# ଧରିତ୍ରୀ
DHARITRI

ଭୁବନେଶ୍ୱର, ରବିବାର, ଏପ୍ରିଲ ୧୩/୨୦୨୫ (୧୬ ପୃଷ୍ଠା+ଛୁଟିଦିନ) Bhubaneswar, Sunday, April 13/2025 Page 16 ₹ 7.00

୫୧ଶ ଭାଗ ୧୩୮ ସଂଖ୍ୟା www.orissakhabar.com/www.dharitri.com | Printed at Bhubaneswar, Sambalpur, Rayagada & Angul VOLUME 51 ISSUE 138 ମୂଲ୍ୟ ₹୭/-


# ରାଜ୍ୟପାଳ ଅଲୋଡ଼ା: ତାମିଲନାଡୁ ଆଣିଲା ୧୦ ଆଇନ

ସୁପ୍ରିମକୋର୍ଟଙ୍କ ହସ୍ତକ୍ଷେପ କ୍ରମେ ଦେଶରେ ପ୍ରଥମ ଥର ପାଇଁ ତାମିଲନାଡୁରେ ଏକକାଳୀନ ୧୦ ବିଲ୍ ରାଜ୍ୟପାଳ କିମ୍ବା ରାଷ୍ଟ୍ରପତିଙ୍କ ବିନା ମଞ୍ଜୁରୀରେ ଆଇନରେ ପରିଣତ ହୋଇଛି। ୨୦୨୦ରୁ ୨୦୨୩ ମଧ୍ୟରେ ତାମିଲନାଡୁ ବିଧାନସଭାରେ ପାରିତ ଉକ୍ତ ୧୦ ବିଧେୟକକୁ ରାଜ୍ୟପାଳ ଆର୍.ଏନ୍. ରବି ଅନୁମୋଦନ ନ କରି ପକାଇ ରଖିଥିଲେ। ପରବର୍ତ୍ତୀ ସମୟରେ ସେ ବିଧେୟକଗୁଡ଼ିକୁ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କ ନିକଟକୁ ବିଚାର ପାଇଁ ପଠାଇ ଦେଇଥିଲେ। ମୁଖ୍ୟମନ୍ତ୍ରୀ ଏମ୍.କେ. ଷ୍ଟାଲିନ୍‌ଙ୍କ ନେତୃତ୍ୱାଧୀନ ଡିଏମ୍‌କେ ସରକାର ରାଜ୍ୟପାଳଙ୍କ ଏଭଳି କାର୍ଯ୍ୟ ବିରୋଧରେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ସର୍ବୋଚ୍ଚ ଅଦାଲତ ୨୦୨୫ ଏପ୍ରିଲ ୮ରେ ଭାରତୀୟ ସମ୍ବିଧାନର ଅନୁଚ୍ଛେଦ ୧୪୨ରେ ପ୍ରଦତ୍ତ ସ୍ୱତନ୍ତ୍ର କ୍ଷମତାର ପ୍ରୟୋଗ କରି ସେଗୁଡ଼ିକୁ ଆଇନରେ ପରିଣତ କରିଥିଲେ। କୌଣସି ରାଜ୍ୟର ନିର୍ବାଚିତ ସରକାରଙ୍କ ଦ୍ୱାରା ବିଧାନସଭାରେ ଗୃହୀତ ବିଧେୟକକୁ ରାଜ୍ୟପାଳ ଚାପି ରଖିବା ବେଆଇନ ଓ ସମ୍ବିଧାନ ବିରୋଧୀ କାର୍ଯ୍ୟ କହି ଅଦାଲତ ଭର୍ତ୍ସନା କରିଥିଲେ। ପୁନର୍ବିଚାର ପାଇଁ ବିଧାନସଭା ଦ୍ୱାରା ଦ୍ୱିତୀୟ ଥର ଉପସ୍ଥାପନ କରାଯିବାର ମାସକ ଭିତରେ ରାଜ୍ୟପାଳ ସମ୍ପୃକ୍ତ ବିଲ୍‌ରେ ସ୍ୱାକ୍ଷର କରିବାକୁ ବାଧ୍ୟ। ଏଥିରେ ଅବହେଳା କଲେ ରାଜ୍ୟପାଳଙ୍କ କାର୍ଯ୍ୟ ଅଦାଲତଙ୍କ ନ୍ୟାୟିକ ସମୀକ୍ଷାର ପରିସରଭୁକ୍ତ ହେବ ବୋଲି ସୁପ୍ରିମକୋର୍ଟ ଚେତାବନୀ ଦେଇଥିଲେ। ଏହି ଐତିହାସିକ ରାୟର ୪ ଦିନ ପରେ ତାମିଲନାଡୁ ସରକାର ଉକ୍ତ ୧୦ ବିଲ୍ ଆଇନରେ ପରିଣତ ହୋଇଥିବା ନେଇ ବିଜ୍ଞପ୍ତି ପ୍ରକାଶ କରିଛନ୍ତି। ଏହା କେବଳ ତାମିଲନାଡୁର ନୁହେଁ, ବରଂ ଦେଶର ସମସ୍ତ ରାଜ୍ୟ ସରକାରଙ୍କ ସ୍ୱତନ୍ତ୍ରତାର ବିଜୟ। ସର୍ବୋଚ୍ଚ ଅଦାଲତଙ୍କ ରାୟ ସଂଘୀୟ ବ୍ୟବସ୍ଥାରେ ରାଜ୍ୟଗୁଡ଼ିକର କ୍ଷମତାକୁ ପୁନଃ ଅବସ୍ଥାପିତ କରିଛି ବୋଲି ଅନେକେ ମତ ଦେଇଛନ୍ତି।

**ଚେନ୍ନାଇ,୧୨।୪**

ତାମିଲନାଡୁ ସରକାରଙ୍କ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତି ଅନୁସାରେ ୧୦ ନୂଆ ଆଇନ ହେଲା ତାମିଲନାଡୁ ଫିଶେରିଜ୍ ୟୁନିଭର୍ସିଟି (ସଂଶୋଧନ) ଆଇନ-୨୦୨୦, ତାମିଲନାଡୁ ପ୍ରାଣୀ ବିଜ୍ଞାନ ବିଶ୍ୱବିଦ୍ୟାଳୟ (ସଂଶୋଧନ) ଆଇନ-୨୦୨୦, ତାମିଲନାଡୁ ବିଶ୍ୱବିଦ୍ୟାଳୟ ଆଇନ (ସଂଶୋଧନ) ଆକ୍ଟ-୨୦୨୨, ତାମିଲନାଡୁ ଡ. ଆମ୍ବେଡକର ଲ' ୟୁନିଭର୍ସିଟି (ଆମେଣ୍ଡମେଣ୍ଟ) ଆକ୍ଟ-୨୦୨୨, ତାମିଲନାଡୁ ଡ. ଏମ୍‌ଜିଆର୍ ମେଡିକାଲ ୟୁନିଭର୍ସିଟି, ଚେନ୍ନାଇ (ସଂଶୋଧନ) ଆଇନ-୨୦୨୨, ତାମିଲନାଡୁ କୃଷି ବିଶ୍ୱବିଦ୍ୟାଳୟ (ସଂଶୋଧନ) ଆଇନ-୨୦୨୨, ତାମିଲନାଡୁ ୟୁନିଭର୍ସିଟି (ଦ୍ୱିତୀୟ ସଂଶୋଧନ), ଆଇନ-୨୦୨୨, ତାମିଲନାଡୁ ମତ୍ସ୍ୟ ବିଶ୍ୱବିଦ୍ୟାଳୟ (ସଂଶୋଧନ) ଆଇନ-୨୦୨୩, ତାମିଲନାଡୁ ଭେଟେରିନାରି ଆଣ୍ଡ୍ ☞ପୃଷ୍ଠା-୭



ତାମିଲନାଡୁ ରାଜ୍ୟପାଳ ଆର୍.ଏନ୍. ରବି ଏବଂ ମୁଖ୍ୟମନ୍ତ୍ରୀ ଏମ୍.କେ. ଷ୍ଟାଲିନ୍

## ସମ୍ମତି ପାଇଁ ରାଷ୍ଟ୍ରପତିଙ୍କୁ ୩ ମାସ



**ନୂଆଦିଲ୍ଲୀ,୧୨।୪(ପି.ଟି./ଲାଇଭ୍ ଲ)**

ରାଜ୍ୟପାଳ କୌଣସି ବିଲ୍ ଉପରେ ବିଚାର ପାଇଁ ପଠାଇବାର ୩ ମାସ ଭିତରେ ରାଷ୍ଟ୍ରପତି ସମ୍ମତି ପ୍ରଦାନ କରିବେ ବୋଲି ସୁପ୍ରିମକୋର୍ଟ ଏକ ଐତିହାସିକ ରାୟ ଦେଇଛନ୍ତି। ରାଷ୍ଟ୍ରପତିଙ୍କ ପାଇଁ ବିଧେୟକ ଉପରେ ନିଷ୍ପତ୍ତି ନେବା ସଂକ୍ରାନ୍ତରେ ସୁପ୍ରିମକୋର୍ଟ ପ୍ରଥମ ଥର ଏଭଳି ସମୟସୀମା ନିର୍ଦ୍ଧାରଣ କରିଛନ୍ତି। ତାମିଲନାଡୁ ବିଧାନସଭା ଦ୍ୱାରା ପାରିତ ୧୦ ବିଲ୍‌କୁ ରାଜ୍ୟପାଳ ଆର୍.ଏନ୍. ରବି ମୋହର ନ ଦେଇ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ସଂରକ୍ଷିତ ରଖିବା ପ୍ରସଙ୍ଗରେ ସର୍ବୋଚ୍ଚ ଅଦାଲତ ୪ ଦିନ ତଳେ ଭର୍ତ୍ସନା କରିଥିଲେ। ଏଥିସହ ସମସ୍ତ ରାଜ୍ୟପାଳଙ୍କ ପାଇଁ ଏ ସଂକ୍ରାନ୍ତରେ ସମୟସୀମା ନିର୍ଦ୍ଧାରଣ କରିଥିଲେ। ୪୧୫ ପୃଷ୍ଠା ସମ୍ବଳିତ ଏହି ରାୟ ଶୁକ୍ରବାର ରାତି ୧୦ଟା ୫୪ ମିନିଟ୍‌ରେ ସୁପ୍ରିମକୋର୍ଟ ୱେବ୍‌ସାଇଟ୍‌ରେ ଅପ୍‌ଲୋଡ୍ କରାଯାଇଛି।

ସର୍ବୋଚ୍ଚ ଅଦାଲତଙ୍କ ୱେବ୍‌ସାଇଟ୍‌ରେ ଅପ୍‌ଲୋଡ୍ ରାୟରେ ଜଷ୍ଟିସ୍ ଜେ.ବି. ପର୍ଦ୍ଦିୱାଲା ଏବଂ ଆର୍. ମହାଦେବନ୍‌ଙ୍କ ଖଣ୍ଡପୀଠ କହିଛନ୍ତି, ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ଦ୍ୱାରା ନିର୍ଦ୍ଧାରିତ ସମୟସୀମାକୁ ଆପଣାଯିବା ଉପଯୁକ୍ତ ହେବ ବୋଲି ଆମେ ମନେକରୁଛୁ ଏବଂ ରାଜ୍ୟପାଳ ରାଷ୍ଟ୍ରପତିଙ୍କ ନିକଟକୁ ବିଚାର ପାଇଁ ପଠାଇଥିବା ☞ପୃଷ୍ଠା-୭







# ପୋଲିସ ସହ ଗୁଳି ବିନିମୟ: ୩ ମାଓବାଦୀ ନିହତ

**ମାଲକାନଗିରି, ୧୨।୪ (ଦୁର୍ଯ୍ୟୋଧନ ପାତ୍ର)**

ଛତିଶଗଡ ବିଜାପୁର ଜିଲାରେ ପୋଲିସ ସହ ଗୁଳି ବିନିମୟ ଘଟି ୩ ମାଓବାଦୀ ଶନିବାର ନିହତ ହୋଇଛନ୍ତି। ଘଟଣାସ୍ଥଳରୁ ବିପୁଳ ପରିମାଣର ଅସ୍ତ୍ରଶସ୍ତ୍ର ଓ ବିସ୍ଫୋରକ ଜବତ ହୋଇଛି। ବିଜାପୁର ଜିଲା ଇନ୍ଦ୍ରାବତୀ ଅଞ୍ଚଳ ଜଙ୍ଗଲରେ ମାଓବାଦୀଙ୍କ ଉପସ୍ଥିତି ସମ୍ବନ୍ଧରେ ଗୋଇନ୍ଦା ସୂଚନା ମିଳିବାରୁ ଡିଆର୍‌ଜି, ଏସ୍‌ଟିଏଫ୍ ଓ କୋବ୍ରା ବାହିନୀ ମିଳିତ ଭାବେ କୋମ୍ବିଂ କରିଥିଲେ। ପ୍ରଥମେ ମାଓବାଦୀମାନେ ଗୁଳି ଚାଳନା କରିଥିବା ବେଳେ ଜବାବରେ ସୁରକ୍ଷାକର୍ମୀ ମଧ୍ୟ ଗୁଳିଚାଳନା କରିଥିଲେ। ତେବେ ସୁରକ୍ଷାକର୍ମୀଙ୍କୁ ସାମନା କରି ନ ପାରି ମାଓବାଦୀମାନେ ଛତ୍ରଭଙ୍ଗ ଦେଇଥିଲେ। ସୁରକ୍ଷାକର୍ମୀ ସର୍ଚ୍ଚ ସମୟରେ ୩ ଜଣ ୟୁନିଫର୍ମ ପିନ୍ଧା ମାଓବାଦୀଙ୍କ ମୃତଦେହ ଜବତ କରିଥିଲେ।

# କୋଇଲା ବୋଝେଇ ଟ୍ରେନ୍‌ରେ ନିଆଁ



ଅଗ୍ନିଶମ କର୍ମଚାରୀମାନେ ଟ୍ରେନ୍‌ରେ ଲାଗିଥିବା ନିଆଁ ଲିଭାଉଛନ୍ତି।

**ବାଲୁଗାଁ, ୧୨।୪ (ସଂଗ୍ରାମ ପାଇକରାୟ)**

ଖୋର୍ଦ୍ଧାରୋଡ୍ ରେଳ ଡିଭିଜନ ଅନ୍ତର୍ଗତ ବାଲୁଗାଁ ଷ୍ଟେଶନର ୩ ନମ୍ବର ପ୍ଲାଟଫର୍ମଠାରେ ଶନିବାର ଏକ କୋଇଲା ବୋଝେଇ ଟ୍ରେନ୍‌ରେ ଅଗ୍ନିକାଣ୍ଡ ଘଟିଛି। ତେବେ ଏଥିରେ ବିଶେଷ କିଛି କ୍ଷତି ହୋଇ ନ ଥିବା ଜଣାପଡ଼ିଛି। ସୂଚନା ମୁତାବକ, ବିଶାଖାପାଟଣାରୁ କୋଇଲା ବୋଝେଇ ହୋଇ ଏକ ଟ୍ରେନ୍ ଖଡ଼ଗପୁର ଯାଉଥିଲା। ଅପରାହ୍ନ ପ୍ରାୟ ୩ଟାରେ ଟ୍ରେନଟି ଚିଲିକା ଷ୍ଟେଶନ ଦେଇ ଅତିକ୍ରମ କରୁଥିବା ବେଳେ ଇଞ୍ଜିନ ପଟୁ ୪୬ନଂ. ୱାଗନରୁ ଧୂଆଁ ବାହାରୁଥିବା ରେଳ କର୍ତ୍ତୃପକ୍ଷ ଦେଖିପାରି ତୁରନ୍ତ ବାଲୁଗାଁ ଷ୍ଟେଶନ ମାଷ୍ଟରଙ୍କୁ ଜଣାଇଥିଲେ। ଟ୍ରେନଟି ବାଲୁଗାଁରେ ରହିବା ପରେ ଅଗ୍ନିଶମ ବାହିନୀ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ତେବେ ପ୍ରଚଣ୍ଡ ଗ୍ରୀଷ୍ମ ପ୍ରବାହ ଯୋଗୁ କୋଇଲାକୁ କୋଇଲା ଘଷି ହୋଇ ନିଆଁ ଲାଗିଥିବା ଅନୁମାନ କରାଯାଇଛି। ନିଆଁ ସମ୍ପୂର୍ଣ୍ଣ ଆୟତ୍ତ ହେବା ପରେ ସନ୍ଧ୍ୟାରେ ଟ୍ରେନଟି ଗନ୍ତବ୍ୟସ୍ଥଳକୁ ଯାତ୍ରା କରିଥିଲା।

# ସୀମାନ୍ତରେ ଆଇଇଡି ବିସ୍ଫୋରଣ: ସୁରକ୍ଷା କର୍ମୀ ନିହତ

**ରାଉରକେଲା, ୧୨।୪ (ସଙ୍ଗୀତା ଜେନା)**

ଓଡ଼ିଶା ଝାଡ଼ଖଣ୍ଡ ସୀମାନ୍ତ ଅଞ୍ଚଳରେ ମାଓବାଦୀ ସମସ୍ୟାକୁ ଆୟତ୍ତ ପାଇଁ କରାଯାଉଥିବା ସୁରକ୍ଷା ଅଭିଯାନ ବେଳେ ଶନିବାର ଆଇଇଡି ବିସ୍ଫୋରଣରେ ଜଣେ ସୁରକ୍ଷା କର୍ମୀଙ୍କ ମୃତ୍ୟୁ ଘଟିଛି। ସେ ହେଉଛନ୍ତି ଝାଡ଼ଖଣ୍ଡ ଜଗୁଆରର ଆରକ୍ଷୀ ସୁନୀଲ ଧାନ। ଏଥିରେ କୋବ୍ରା ୨୦୩ ବାଟାଲିୟନ୍‌ର ହେଡ୍ କନଷ୍ଟେବଲ ଆରଓ ବିଷ୍ଣୁ ସୈନୀ ଆହତ ହୋଇଛନ୍ତି। ଏ ନେଇ ସିଆର୍‌ପିଏଫ୍ ପକ୍ଷରୁ ସୂଚନା ମିଳିଛି। ସୂଚନା ଅନୁଯାୟୀ, ଶନିବାର ସକାଳେ ଛୋଟାନାଗରା ଓ ଜରେଇକେଲା ଥାନା ସୀମାବର୍ତ୍ତୀ ପାହାଡିଆରେ ସର୍ଚ୍ଚ ଅପରେଶନ୍ କରାଯାଉଥିଲା। ମାଓବାଦୀମାନେ ଉକ୍ତ ସ୍ଥାନରେ ସୁରକ୍ଷା କର୍ମୀଙ୍କ ଉଦ୍ଦେଶ୍ୟରେ ଖଞ୍ଜିଥିବା ଆଇଇଡି ବିସ୍ଫୋରଣ ହୋଇଥିଲା। ସୁରକ୍ଷା କର୍ମୀଙ୍କ ପକ୍ଷରୁ ପାଲଟା ଗୁଳି ବର୍ଷଣ କରାଯାଇଥିଲା। ଫଳରେ ମାଓବାଦୀମାନେ ସେଠାରୁ ଖସି ଯାଇଥିଲେ। ଉକ୍ତ ବିସ୍ଫୋରଣରେ ବିଷ୍ଣୁ ଏବଂ ସୁନୀଲ ଆହତ ହୋଇଥିଲେ। ଉଭୟଙ୍କୁ ତୁରନ୍ତ ରାଞ୍ଚିକୁ ଏୟାରଲିଫ୍ଟ କରାଯାଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ସନ୍ଧ୍ୟା ପ୍ରାୟ ୬ଟାରେ ଧାନ୍‌ଙ୍କ ମୃତ୍ୟୁ ଘଟିଥିଲା।

# ଉଚ୍ଚଶିକ୍ଷା କ୍ଷେତ୍ରରେ ନୂତନ ସୂର୍ଯ୍ୟୋଦୟ: ମନ୍ତ୍ରୀ ସୂର୍ଯ୍ୟବଂଶୀ

## ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ଅଧିନିୟମକୁ ରାଜ୍ୟପାଳଙ୍କ ସ୍ୱୀକୃତି

**ଭୁବନେଶ୍ୱର, ୧୨।୪ (ସୁଚିସ୍ମିତା ସାହୁ)**

ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ଅଧିନିୟମ, ୨୦୨୪ ରାଜ୍ୟରେ ଶନିବାରଠାରୁ ଲାଗୁ ହୋଇଛି। ବିଧାନସଭାରେ ପାରିତ ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ବିଧେୟକ ୨୦୨୪କୁ ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି ସ୍ୱୀକୃତି ପ୍ରଦାନ କରିବା ପରେ ଏହି ଅଧିନିୟମ କାର୍ଯ୍ୟକାରୀ ହୋଇଛି। ଗତ ୨ତାରିଖରେ ବିଧାନସଭାରେ ରାତିତମାମ ଆଲୋଚନା ହେବାପରେ ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ବିଧେୟକକୁ ଗୃହରେ ପାରିତ କରାଯାଇଥିଲା। ପରେ ଏହାକୁ ରାଜ୍ୟପାଳଙ୍କ ନିକଟକୁ ପଠାଯାଇଥିଲା। ଏହି ଅଧିନିୟମ ଲାଗୁ ହେବା ପରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ରାଜ୍ୟପାଳ କମ୍ଭମପାଟିଙ୍କୁ ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏଥିସହ ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ଅଧିନିୟମ, ୨୦୨୪ ଓଡ଼ିଶାରେ ଉଚ୍ଚଶିକ୍ଷାର ବିକାଶ ଦିଗରେ ଏକ ଯୁଗାନ୍ତକାରୀ ପଦକ୍ଷେପ ବୋଲି ମନ୍ତ୍ରୀ ସୂରଜ ପ୍ରକାଶ କରିଛନ୍ତି।

ଏଥିସହିତ ମନ୍ତ୍ରୀ କହିଛନ୍ତି, ରାଜ୍ୟରେ ଉଚ୍ଚଶିକ୍ଷା କ୍ଷେତ୍ରରେ ଦେଖାଯାଉଥିବା ବିଭିନ୍ନ ସମସ୍ୟାର ସମାଧାନ ଏବଂ ଉଚ୍ଚଶିକ୍ଷା କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣି ରାଜ୍ୟରେ ଶିକ୍ଷା ବ୍ୟବସ୍ଥାକୁ ସୁଦୃଢ଼ ନିମନ୍ତେ ଉକ୍ତ ବିଧେୟକକୁ ବିଧାନସଭାରେ ପାରିତ କରାଯାଇଥିଲା। ଓଡ଼ିଶାର ଉଚ୍ଚଶିକ୍ଷା କ୍ଷେତ୍ରରେ ନୂତନ ସୂର୍ଯ୍ୟୋଦୟ ହୋଇଛି। ଏହି ଅଧିନିୟମ ଦ୍ୱାରା ରାଜ୍ୟରେ ଥିବା ବିଶ୍ୱବିଦ୍ୟାଳୟର ସ୍ୱାୟତ୍ତତା ସୁନିଶ୍ଚିତ ହେବା ସହିତ ଅଧ୍ୟାପକ ନିଯୁକ୍ତି ପ୍ରକ୍ରିୟାକୁ ବିଶ୍ୱବିଦ୍ୟାଳୟର ଆବଶ୍ୟକତା ଅନୁଯାୟୀ ସରଳୀକରଣ ଓ ତ୍ୱରାନ୍ୱିତ କରାଯାଇପାରିବ। ଏଥିସହ ବିଶ୍ୱବିଦ୍ୟାଳୟ ସିନେଟ୍‌ରେ ପୁନଃ-ଅନ୍ତର୍ଭୁକ୍ତୀକରଣକୁ ସୁନିଶ୍ଚିତ କରିବା ସହିତ ଅଧ୍ୟାପକ ଓ କୁଳପତି ଚୟନରେ ସରକାରୀ ହସ୍ତକ୍ଷେପକୁ ହ୍ରାସ କରାଯାଇଛି। ରାଜ୍ୟରେ ମୋଟ ନାମଲେଖା ଅନୁପାତ ବଢ଼ାଇବା ନିମନ୍ତେ ପ୍ରତ୍ୟେକ ବିଶ୍ୱବିଦ୍ୟାଳୟରେ ଦୂରଶିକ୍ଷା ବ୍ୟବସ୍ଥା ପ୍ରଣୟନ କରିବା, ବିଶ୍ୱବିଦ୍ୟାଳୟର ଆର୍ଥିକ ପରିଚାଳନାକୁ ସୁଦୃଢ଼ କରିବା ପାଇଁ ଅର୍ଥ କମିଟି ଗଠନ ଏବଂ ଭିତ୍ତିଭୂମିକୁ ସୁଦୃଢ଼ ଲାଗି କୋଠାବାଡ଼ି ଓ ନିର୍ମାଣ କମିଟି ଗଠନର ପ୍ରସ୍ତାବ, ଶିକ୍ଷାନୁଷ୍ଠାନଗୁଡ଼ିକରେ ବିଶ୍ୱସ୍ତରୀୟ ଗବେଷଣା ଓ ଶୈକ୍ଷିକ ଉତ୍କର୍ଷକୁ ପ୍ରୋତ୍ସାହନ ଦିଆଯାଇପାରିବ। ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ଅଧିନିୟମ-୨୦୨୪ ଜ୍ଞାନଭିତ୍ତିକ ଅର୍ଥନୀତି ଅଭିବୃଦ୍ଧିରେ ମଧ୍ୟ ସହାୟକ ହେବ। ନୂଆ ଅଧିନିୟମ ଅନୁଯାୟୀ, ବିଶ୍ୱବିଦ୍ୟାଳୟରେ ପ୍ରତି ବର୍ଷ ଦୁଇଥର ସିନେଟ୍‌ର ବୈଠକ ଅନୁଷ୍ଠିତ ହେବ। ଏଥିସହ ସିନେଟ୍‌ରେ ସର୍ବମୋଟ ୬୮ଜଣ ସଦସ୍ୟ ରହିଥିବା ବ୍ୟବସ୍ଥା ଥିବାବେଳେ ଏଥିରେ ଅତିକମ୍‌ରେ ୩୭ଜଣ ସଦସ୍ୟ ଶିକ୍ଷକ, ଶିକ୍ଷାବିତ୍ ଏବଂ ଛାତ୍ରସମାଜରୁ ରହିବାର ବ୍ୟବସ୍ଥାକୁ ସୁନିଶ୍ଚିତ କରାଯାଇଛି। ବିଶ୍ୱବିଦ୍ୟାଳୟରେ ଅଧ୍ୟାପକ ନିଯୁକ୍ତ ହେବା ଦ୍ୱାରା ସ୍ନାତକ ଏବଂ ସ୍ନାତକୋତ୍ତରସ୍ତରର ବିଭିନ୍ନ ପାଠ୍ୟକ୍ରମରେ ଶିକ୍ଷକ ଓ ଛାତ୍ରୀଛାତ୍ର ଅନୁପାତକୁ ସୁନିଶ୍ଚିତ କରାଯାଇପାରିବ। ଗୁଣାତ୍ମକ ଉଚ୍ଚଶିକ୍ଷାକୁ ସମସ୍ତଙ୍କ ନିକଟରେ ପହଞ୍ଚାଇବା ଓ ରାଜ୍ୟରେ ମୋଟ ନାମଲେଖା ଅନୁପାତ ବଢ଼ାଇବା ନିମନ୍ତେ ପ୍ରତ୍ୟେକ ବିଶ୍ୱବିଦ୍ୟାଳୟରେ "ଦୂରଶିକ୍ଷା" ବ୍ୟବସ୍ଥାକୁ ପ୍ରଣୟନ କରାଯିବ ବୋଲି ଉଚ୍ଚଶିକ୍ଷା ମନ୍ତ୍ରୀ ସୂରଜ କହିଛନ୍ତି।

# ପୁରୀରେ ପହଞ୍ଚିଲା ରଥ ଦଉଡ଼ି

**ପୁରୀ, ୧୨।୪ (ଅଜିତ୍ କୁମାର ମହାନ୍ତି)**


ଟ୍ରକ ଯୋଗେ ଆସି ପୁରୀରେ ପହଞ୍ଚିଥିବା ରଥଦଉଡ଼ି।

ଆସନ୍ତା ଜୁନ୍ ୨୭ରେ ମହାପ୍ରଭୁଙ୍କ ବିଶ୍ୱପ୍ରସିଦ୍ଧ ରଥଯାତ୍ରା। ଏହାକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର, ଶ୍ରୀମନ୍ଦିର ପ୍ରଶାସନ ଏବଂ ପୁରୀ ଜିଲା ପ୍ରଶାସନ ପକ୍ଷରୁ ପ୍ରସ୍ତୁତି ଆରମ୍ଭ ହୋଇସାରିଛି। ରଥଯାତ୍ରା ପାଇଁ ଶନିବାର ଅପରାହ୍ନରେ ଏକ ଟ୍ରକ ଯୋଗେ ତିନିରଥର ଦଉଡ଼ି ଓ କର୍ଡନ ଦଉଡ଼ି ଆସି ପୁରୀରେ ପହଞ୍ଚିଛି। ପରେ ଉକ୍ତ ଦଉଡ଼ିଗୁଡ଼ିକୁ ଶ୍ରୀମନ୍ଦିର ପ୍ରଶାସନକୁ ହସ୍ତାନ୍ତର କରାଯାଇଛି। କତା ନିଗମରୁ ୨୬ଟି ରଥ ଦଉଡି ଆସିଛି। ତନ୍ମଧ୍ୟରେ ୧୪ଟି ରଥଟଣା ଦଉଡ଼ି ଓ ୧୨ଟି କର୍ଡନ (ରଥଘେର) ଦଉଡ଼ି ରହିଛି। ପ୍ରତ୍ୟେକ ରଥଟଣା ଦଉଡ଼ିର ଲମ୍ବ ୨୨୦ ଫୁଟ ଓ ମୋଟେଇ ୮ ଇଞ୍ଚ। ସେହିପରି ଜେନେରାଲ କର୍ଡନ ଦଉଡ଼ି ୩ଟି ୪୫୦ ଫୁଟ ଲମ୍ବ ଓ ୪ ଇଞ୍ଚ ଗୋଲେଇ ରହିଛି। ଇନର କର୍ଡନ ଦଉଡ଼ି ୩ଟି ରହିଛି। ବଡ଼ ଠାକୁର ପ୍ରଭୁ ବଳଭଦ୍ରଙ୍କ ରଥର ସବୁଜ, ଦେବୀ ସୁଭଦ୍ରାଙ୍କ ରଥ ପାଇଁ ଲାଲ୍ ଏବଂ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନନ୍ଦିଘୋଷ ରଥ ପାଇଁ ହଳଦିଆ ରଙ୍ଗର ଦଉଡ଼ି ଆସିଛି। ଦଉଡ଼ିଗୁଡ଼ିକ ୨୭୦ ଫୁଟ ଲମ୍ବ, ୪ ଇଞ୍ଚ ଗୋଲେଇ ରହିଛି। ସେହିପରି ଆଉଟର କର୍ଡନ ଦଉଡ଼ି (ପୋଲିସ କର୍ଡନ ଦଉଡ଼ି) ୩ଟି ଥିବାବେଳେ ପ୍ରତ୍ୟେକ ୧୦୦ ମିଟର ଲମ୍ବ ଓ ୪ ଇଞ୍ଚ ଗୋଲେଇ। ସମସ୍ତ ଦଉଡ଼ିକୁ ଶ୍ରୀମନ୍ଦିରର ବରିଷ୍ଠ ତତ୍ତ୍ୱାବଧାରକ ସୁଦର୍ଶନ ମେକାପଙ୍କ ତତ୍ତ୍ୱାବଧାନରେ ବାଗେଡିଆ ଧର୍ମଶାଳାରେ ସୁରକ୍ଷିତ ଭାବେ ରଖାଯାଇଥିବା ନେଇ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି।







ଧରିତ୍ରୀ
DHARITRI
51 Years
ଭୁବନେଶ୍ୱର, ରବିବାର, ଏପ୍ରିଲ ୧୩/୨୦୨୫ Bhubaneswar, Sunday, April 13/2025

# ଅହଂକାର ରଖନି, ଗ୍ରୁପିଜମ୍ କରନାହିଁ: ନଡ୍ଡା



ପୁରୀ ସ୍ଥିତ ସ୍ୱାମୀ ନାରାୟଣ ମୁଖ୍ୟ ମନ୍ଦିର ପରିସରରେ ଆୟୋଜିତ ଭାଜପାର ୨ ଦିନିଆ ପ୍ରଶିକ୍ଷଣ ଶିବିରରେ ଦଳର ରାଷ୍ଟ୍ରୀୟ ଅଧ୍ୟକ୍ଷ ଜେ.ପି.ନଡ୍ଡା, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ବରିଷ୍ଠ ନେତୃବୃନ୍ଦ।

**ରାଜନୀତିରେ ତିଷ୍ଠିରହିବାକୁ ହେଲେ ପ୍ରଥମେ ନିଜ ସ୍ୱାର୍ଥରୁ ଊର୍ଦ୍ଧ୍ୱକୁ ଯାଇ ରାଷ୍ଟ୍ର ହିତ ପାଇଁ କାର୍ଯ୍ୟ କରିବା ଶିଖ। ଏହା ପୂର୍ବରୁ ଦଳ ଭିତରେ ଗ୍ରୁପିଜିମ୍ କରିବା ବନ୍ଦ କରିବାକୁ ଅଭ୍ୟାସ କର। ଗ୍ରୁପିଜମ୍ କରିବା ଏକ ଖରାପ ଅଭ୍ୟାସ। ଦଳରେ ଗୋଟିଏ ଗ୍ରୁପ୍ ହୋଇ ରହିଲେ ଭଲ। ଏହାଦ୍ୱାରା ଦଳର ଶକ୍ତି ବୃଦ୍ଧି ପାଇବ। ରାଷ୍ଟ୍ରହିତ କଥା ଚିନ୍ତାକରି କାର୍ଯ୍ୟ କଲେ ଗ୍ରୁପିଜମ୍‌ଠାରୁ ଦୂରରେ ରହିବା ଭଲ। ଏପରିକି ମନ୍ତ୍ରୀ, ବିଧାୟକ ଓ ଏମ୍‌ପିମାନେ ଗର୍ବ କି ଅହଂକାର କରିବା ଭଲ ନୁହେଁ। କାରଣ ଗର୍ବ ଓ ଅହଂକାର ରାଜନୀତିରେ ତଳକୁ ତଳକୁ ଯିବାର ଏକ ଲକ୍ଷଣ ବୋଲି ଭାଜପା ରାଷ୍ଟ୍ରୀୟ ଅଧ୍ୟକ୍ଷ ତଥା କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ ଜେ.ପି. ନଡ୍ଡା ପୁରୀରେ ଆୟୋଜିତ ଦଳର ପ୍ରଶିକ୍ଷଣ ଶିବିରରେ କହିଛନ୍ତି।**

ଭୁବନେଶ୍ୱର (ସୁନିତ୍ ମିଶ୍ର)/ପୁରୀ (ଅଜିତ କୁମାର ମହାନ୍ତି), ୧୨।୪

ପୁରୀ ସ୍ଥିତ ସ୍ୱାମୀ ନାରାୟଣ ମୁଖ୍ୟ ମନ୍ଦିର ପରିସରରେ ଆୟୋଜିତ ଭାଜପାର ୨ ଦିନିଆ ପ୍ରଶିକ୍ଷଣ ଶିବିରକୁ ଉଦ୍‌ଘାଟନ କରି ନଡ୍ଡା ଦଳର ବିଧାୟକ, ମନ୍ତ୍ରୀ ଏବଂ ଏମ୍‌ପିମାନଙ୍କୁ ଏକାଧିକ ପଏଣ୍ଟ ଉପରେ ଗୁରୁମନ୍ତ୍ର ଦେଇଛନ୍ତି। ନଡ୍ଡା କହିଛନ୍ତି, ରାଜନୀତିରେ ବଞ୍ଚି ରହିବାକୁ ହେଲେ ସ୍ୱାସ୍ଥ୍ୟକ୍ଷେତ୍ର ଉପରେ ବିଶେଷ ଗୁରୁତ୍ୱ ଦେବା ଦରକାର। ବିଧାୟକ, ସାଂସଦ କିମ୍ବା ମନ୍ତ୍ରୀ ବୋଲି ଅହଂକାର କରନାହିଁ। ପ୍ରଥମେ ଗ୍ରୁପିଜମ୍, ଚାପୁଲିସି ଛାଡ଼। ନିଜର ବ୍ୟକ୍ତିତ୍ୱ ତିଆରି କରିବାକୁ ପ୍ରାଥମିକତା ଦିଅ। ଗ୍ରାଉଣ୍ଡକୁ ଯାଇ ଲୋକମାନଙ୍କ ପାଇଁ କାମ କଲେ ହିଁ ନିଜର ବ୍ୟକ୍ତିତ୍ୱ ତିଆରି କରିବା ସମ୍ଭବ ହେବ। ଅଙ୍ଗନୱାଡି କେନ୍ଦ୍ର ଓ ମେଡିକାଲକୁ ଯାଇ ଅଧ ଘଣ୍ଟା ଲେଖା ବସ ଏବଂ ସେଠାରେ ଲୋକମାନଙ୍କ ସୁବିଧା ଅସୁବିଧା ବିଷୟରେ ପଚାରି ବୁଝ। ନିଜ ଅଞ୍ଚଳର ଦଳିତ ପରିବାର ସହ ସମ୍ପର୍କରେ ରୁହ। ନିର୍ବାଚନମଣ୍ଡଳୀ ଗସ୍ତ କରିବା ବେଳେ କୌଣସି ବ୍ୟକ୍ତିବିଶେଷଙ୍କ ଘରେ ବସ ନାହିଁ। ବରଂ ଏକ ସାର୍ବଜନୀନ ସ୍ଥାନରେ ବସିବାକୁ ଅଭ୍ୟାସ କର। କୌଣସି ନିର୍ଦ୍ଦିଷ୍ଟ ବ୍ୟକ୍ତିଙ୍କ ଘରେ ଯାଇ ବସିଲେ ନିର୍ବାଚନମଣ୍ଡଳୀ ସ୍ତରରେ ଶତ୍ରୁ ତିଆରି ହେବେ। ଲୋକମାନଙ୍କ ମନ ଭିତରେ ଈର୍ଷା ଜାତହେବ। ତେଣୁ ଏହି କାର୍ଯ୍ୟଠାରୁ ନିଜକୁ ଦୂରେଇ ରଖିବା ଦରକାର। ଲୋକମାନଙ୍କ ପାଇଁ କାମ କରିବା ସବୁଠାରୁ ଜରୁରୀ। ସେଥିଲାଗି ଅଫିସରଙ୍କ ସହ ଭଲ ସମ୍ପର୍କ ରଖି କାମ ଆଦାୟ କରିବା ଶିଖ ବୋଲି ସେ କହିଛନ୍ତି।

ନଡ୍ଡା ଆହୁରି କହିଛନ୍ତି, ସରକାର ସହ ସଙ୍ଗଠନକୁ ନେଇ ଚାଲିବା ଦରକାର। ଏହାଛଡ଼ା ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଯୋଜନାକୁ ଭଲ ଭାବେ ଜାଣିବା ସହ ତାହା କେତେଦୂର କାର୍ଯ୍ୟକାରୀ ହେଉଛି ଗ୍ରାଉଣ୍ଡକୁ ଯାଇ ଦେଖ। ବାସ୍ତବରେ ସରକାରୀ ଯୋଜନା ଠିକ୍ ଭାବେ କାର୍ଯ୍ୟକାରୀ ହେଉଛି ନା ନାହିଁ ଏବଂ ଲୋକଙ୍କ ନିକଟରେ ତା'ର ସୁଫଳତା କେତେ ମାତ୍ରାରେ ପହଞ୍ଚୁଛି ସେକଥା ଉପରେ ଗୁରୁତ୍ୱ ଦେବା ଦରକାର। ଏହାସହ ଲୋକମାନଙ୍କ ଜନଶୁଣାଣି କାର୍ଯ୍ୟକ୍ରମ କରିବା ସମୟରେ ନିଜ ବ୍ୟବହାର ପ୍ରତି ସଚେତନ ରହିବା ଜରୁରୀ। ଲୋକଙ୍କ ଅଭିଯୋଗ ଶୁଣିବା ସମୟରେ ସବୁବେଳେ ହସି ହସି କଥା ହେବା ଶିଖ। ଜଣେ କାର୍ଯ୍ୟକର୍ତ୍ତାଙ୍କ ସହ କିପରି କଥା ହେବ, ସେମାନଙ୍କୁ କେମିତି କାର୍ଯ୍ୟରେ ଲଗାଇବ ସେଥିପ୍ରତି ସଚେତନ ଓ ସତର୍କ ରହିବା ଜରୁରୀ। ଭାଜପାର ସ୍ୱତନ୍ତ୍ର ବିଚାରଧାରା ରହିଛି। ଏହାକୁ ସମସ୍ତ ବିଧାୟକ ଓ ସାଂସଦଙ୍କୁ ମାନିବାକୁ ପଡ଼ିବ ବୋଲି ନଡ୍ଡା କହିଛନ୍ତି। ଭାଜପା କର୍ମକର୍ତ୍ତାଙ୍କ କଠିନ ପରିଶ୍ରମ ଯୋଗୁ ଗତ ୩ ମାସରେ ସାଢ଼େ ୧୩ କୋଟି ମହିଳା ଓ ପୁରୁଷ ଭାଜପାର ସଦସ୍ୟ ହୋଇଛନ୍ତି। ☞ପୃଷ୍ଠା-୭

# ଟ୍ରମ୍ପ୍ ଟାରିଫ୍: ୩% କମିବ ବିଶ୍ୱ ବାଣିଜ୍ୟ

## ଜାତିସଂଘ ଅର୍ଥନୀତିଜ୍ଞଙ୍କ ଆକଳନ

ଜାତିସଂଘ,୧୨।୪

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ୍ ଅନେକ ଦେଶ ଉପରେ ପାରସ୍ପରିକ ଶୁଳ୍କ ଲଗାଇବାକୁ ନିଷ୍ପତ୍ତି ନେଇଥିବାରୁ ଏହା ବିଶ୍ୱ ବାଣିଜ୍ୟକୁ ୩ ପ୍ରତିଶତ ସଂକୁଚିତ କରିପାରେ। ଏଥିସହିତ ଆମେରିକା ଏବଂ ଚାଇନା ଭଳି ବଜାରଗୁଡ଼ିକ ଆମେରିକା, କାନାଡ଼ା ଓ ବ୍ରାଜିଲକୁ ଖସିଯାଇପାରେ ବୋଲି ଜାତିସଂଘର ଶୀର୍ଷ ଅର୍ଥନୀତିଜ୍ଞ ଆକଳନ କରିଛନ୍ତି। ଟ୍ରମ୍ପ୍ ଗତ ସପ୍ତାହରେ ବ୍ୟାପକ ଟାରିଫ ଯୋଜନା କରିଥିବାବେଳେ ଚାଇନା ବ୍ୟତୀତ ଅନ୍ୟ ଦେଶଗୁଡ଼ିକ ପାଇଁ ଏହାକୁ ୯୦ ଦିନ ସ୍ଥଗିତ ରଖିଛନ୍ତି। ଚାଇନା ଉପରେ ଆମେରିକା ୧୪୫ ପ୍ରତିଶତ ଶୁଳ୍କ ଲଗାଇଥିବାବେଳେ ବେଜିଂ ମଧ୍ୟ ଆମେରିକାରୁ ଆମଦାନୀ ସାମଗ୍ରୀ ଉପରେ ୧୨୫ ପ୍ରତିଶତ ଜବାବୀ ଶୁଳ୍କ ଲଗାଇଛି। ଏହାର ପ୍ରଭାବରେ ବିଶ୍ୱ ବାଣିଜ୍ୟ ୩ ପ୍ରତିଶତ ହ୍ରାସ ପାଇବା ସହ ବାଣିଜ୍ୟ ଢାଞ୍ଚା ଏବଂ ଅର୍ଥନୈତିକ ଏକୀକରଣରେ ଉଲ୍ଲେଖନୀୟ ଦୀର୍ଘମିଆଦୀ ପରିବର୍ତ୍ତନ ହୋଇପାରେ ବୋଲି ଅନ୍ତର୍ଜାତୀୟ ବାଣିଜ୍ୟ କେନ୍ଦ୍ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପାମେଲା କୋକ୍-ହାମିଲଟନ୍ ଜେନେଭାରେ କହିଛନ୍ତି।

ଉଦାହରଣ ସ୍ୱରୂପ, ଅତ୍ୟଧିକ ପ୍ରଭାବିତ ହୋଇଥିବା ମେକ୍ସିକୋ ରପ୍ତାନି ଆମେରିକା, ଚାଇନା ଏବଂ ୟୁରୋପୀୟ ବଜାରରୁ ଦକ୍ଷିଣ ଆମେରିକୀୟ ଦେଶଗୁଡ଼ିକୁ ଶିଫ୍ଟ ହେଉଛି। କିଛି ପରିମାଣରେ ମେକ୍ସିକୋ ରପ୍ତାନି ଭାରତକୁ ମଧ୍ୟ ଆସୁଛି। ସେହିପରି ଭିଏତ୍‌ନାମ୍ ରପ୍ତାନି ଆମେରିକା, ମେକ୍ସିକୋ, ଚାଇନା ବଜାର ପରିବର୍ତ୍ତେ ମଧ୍ୟପ୍ରାଚ୍ୟ, ଉତ୍ତର ଆଫ୍ରିକା ବଜାର, ୟୁରୋପୀୟ ୟୁନିୟନ ଏବଂ କୋରିଆ ଚାଲିଯାଉଛି। ବିକଶିତ ରାଷ୍ଟ୍ରଗୁଡ଼ିକ ପାଇଁ ଆର୍ଥିକ କାର୍ଯ୍ୟକଳାପ ଏବଂ ନିଯୁକ୍ତି ସୃଷ୍ଟିରେ ପୋଷାକ ଶିଳ୍ପର ବଡ଼ ଭୂମିକା ରହିଥିବାବେଳେ ବିଶ୍ୱର ଦ୍ୱିତୀୟ ସର୍ବାଧିକ ପୋଷାକ ରପ୍ତାନିକାରୀ ବାଂଲାଦେଶ ଉପରେ ଆମେରିକା ୩୭ ପ୍ରତିଶତ ରେସିପ୍ରୋକାଲ ଟାରିଫ୍ ଲଗାଇଛି। ଏହା କାର୍ଯ୍ୟକାରୀ ହେଲେ ୨୦୨୯ ସୁଦ୍ଧା ଆମେରିକାକୁ ବାଂଲାଦେଶର ବାର୍ଷିକ ରପ୍ତାନି ୩.୩ ବିଲିୟନ ଡଲାର କ୍ଷତି ସହିପାରେ। ମହାମାରୀ, ଜଳବାୟୁ ବିପର୍ଯ୍ୟୟ ଏବଂ ହଠାତ୍ ନୀତିରେ ପରିବର୍ତ୍ତନ ଜନିତ ବୈଶ୍ୱିକ ଝଟ୍‌କା ଅତିକ୍ରମ କରିବାକୁ ହେଲେ ବିକାଶଶୀଳ ଦେଶଗୁଡ଼ିକୁ ବିବିଧୀକରଣ, ମୂଲ୍ୟ ବୃଦ୍ଧି ଏବଂ ଆଞ୍ଚଳିକ ଏକୀକରଣ ଉପରେ ପ୍ରାଥମିକତା ଦେବାକୁ ହେବ ବୋଲି ପାମେଲା କହିଛନ୍ତି।

# ନ୍ୟାଶନାଲ ହେରାଲ୍ଡ ମାମଲା: ୬୬୧ କୋଟିର ସମ୍ପତ୍ତି ବାଜ୍ୟାପ୍ତ ପ୍ରକ୍ରିୟା ଆରମ୍ଭ କଲା ଇଡି

ନୂଆଦିଲ୍ଲୀ,୧୨।୪(ପି.ଟି.)

କଂଗ୍ରେସ ଦଳ ନିୟନ୍ତ୍ରଣରେ ଥିବା ନ୍ୟାଶନାଲ ହେରାଲ୍ଡ ଖବରକାଗଜ ଏବଂ ଆସୋସିଏଟେଡ୍ ଜର୍ନାଲ୍ସ ଲିମିଟେଡ୍ (ଏଜେଏଲ୍) ସହ ସମ୍ପୃକ୍ତ ମନିଲଣ୍ଡରିଂ ତଦନ୍ତର ଅଂଶସ୍ୱରୂପ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଏହାର ୬୬୧ କୋଟି ଟଙ୍କାର ସ୍ଥାବର ସମ୍ପତ୍ତି ବାଜ୍ୟାପ୍ତ କରିବା ପାଇଁ ନୋଟିସ୍ ଜାରି କରିଛି। ଏହି ସମ୍ପତ୍ତି ରହିଥିବା ଅଞ୍ଚଳର ରେଜିଷ୍ଟ୍ରାରଙ୍କ ନିକଟକୁ ସଂଘୀୟ ତଦନ୍ତକାରୀ ସଂସ୍ଥା ଆନୁଷଙ୍ଗିକ ଦସ୍ତାବିଜ୍ ପଠାଇଥିବା ଶନିବାର କହିଛି। ଏଥିସହିତ ଉକ୍ତ ସମ୍ପତ୍ତିଗୁଡ଼ିକର ସ୍ପଷ୍ଟ ଭାଗ ରହିଥିବା ଦିଲ୍ଲୀର ୫ଏ ବାହାଦୁର ଶାହ ଜାଫର ମାର୍ଗସ୍ଥିତ ହେରାଲ୍ଡ ହାଉସ୍, ମୁମ୍ବାଇର ବାନ୍ଦ୍ରା(ଇ) ଏରିଆ (ପ୍ଲଟ୍ ନଂ.୨, ସର୍ଭେ ନଂ. ୩୪୧) ଏବଂ ଉତ୍ତରପ୍ରଦେଶର ଲକ୍ଷ୍ନୌସ୍ଥିତ ବିଶ୍ୱେଶ୍ୱର ନାଥ ରୋଡ(ସମ୍ପତ୍ତି ନଂ.୧)ରେ ଥିବା ଏଜେଏଲ୍ ବିଲ୍ଡିଂରେ ଏକସଙ୍ଗେ ନୋଟିସ୍ ଲଗାଯାଇଛି।

ଉକ୍ତ ସମ୍ପତ୍ତିଗୁଡ଼ିକୁ ଇଡି ଅକ୍ତିଆର କରିବାକୁ ଥିବାରୁ ସେଗୁଡ଼ିକୁ ଖାଲି କରିବା ପାଇଁ ନୋଟିସ୍‌ରେ କୁହାଯାଇଛି। ବାନ୍ଦ୍ରାସ୍ଥିତ ହେରାଲ୍ଡ ହାଉସ୍‌ର ୭ମ, ୮ମ ଏବଂ ୯ମ ମହଲାକୁ ଅକ୍ତିଆର କରିଥିବା ଜିନ୍ଦଲ ସାଉଥ୍‌ୱେଷ୍ଟ ପ୍ରୋଜେକ୍ଟ ଲିଃକୁ ନୋଟିସ୍ ଦିଆଯାଇ ଭଡ଼ା, ଲିଜ୍ ଅର୍ଥ ପ୍ରତିମାସରେ ☞ପୃଷ୍ଠା-୭

**ଆଜିର ସମ୍ପାଦକୀୟ** ଚାଇନାର ପ୍ରତିରୋଧ

**ଆଜିର ମନ୍ତବ୍ୟ**

“ ଭାଜପା ଏବଂ ଏଆଇଏଡିଏମ୍‌କେ ମଧ୍ୟରେ ବନ୍ଧୁତ୍ୱର ନବୀକରଣ 'ପରାଜୟର ଦୁର୍ନୀତିପୂର୍ଣ୍ଣ ମେଣ୍ଟ'। କ୍ଷମତା ପାଇଁ ଉଭୟ ଦଳ ରାଜ୍ୟର ସ୍ୱାୟତ୍ତତାକୁ ବନ୍ଧା ପକାଇଛନ୍ତି।-ଏମ୍.କେ. ଷ୍ଟାଲିନ୍, ତାମିଲନାଡୁ ମୁଖ୍ୟମନ୍ତ୍ରୀ




# ଘଡ଼ଘଡ଼ି ସହ କୁଆପଥର ବର୍ଷା

ଭୁବନେଶ୍ୱର,୧୨।୪ (ଅନୁରାଧା ମହାରଣା)

କାଳବୈଶାଖୀ ପ୍ରଭାବରେ ରାଜ୍ୟର ବିଭିନ୍ନ ଜିଲାରେ ବିଜୁଳି, ଘଡ଼ଘଡ଼ି ସହ କୁଆପଥର ବର୍ଷା ଜାରି ରହିଛି। ଶନିବାର ଦ୍ୱୈତନଗରୀ କଟକ ଓ ଭୁବନେଶ୍ୱର ସମେତ ରାୟଗଡା, କନ୍ଧମାଳ, ଗଞ୍ଜାମ, ନୟାଗଡ, କେନ୍ଦୁଝର, ମୟୂରଭଞ୍ଜ, ଖୋର୍ଦ୍ଧା ଜିଲାର କିଛି ଅଞ୍ଚଳରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହୋଇଛି। ବାରିପଦାରେ ସର୍ବାଧିକ ୪୦.୦ମି.ମି. ବର୍ଷା ରେକର୍ଡ କରାଯାଇଥିବାବେଳେ ଖୋର୍ଦ୍ଧାରେ ୧୨ ମିମି, ନୟାଗଡ଼ରେ ୮ ମିମି, ଦାରିଙ୍ଗବାଡ଼ିରେ ୪ ମିମି, ତାଳଚେରରେ ୨.୨ ମିମି ଏବଂ ଅନୁଗୋଳରେ ୨.୦ ମି.ମି. ବର୍ଷା ରେକର୍ଡ କରାଯାଇଛି। ଅନ୍ୟପଟେ ଦିନବେଳା ଖରା ଓ ଗୁଳୁଗୁଳି ମଧ୍ୟ ଲୋକଙ୍କୁ ଅତିଷ୍ଠ କରୁଛି। ରାଜ୍ୟର ପ୍ରାୟ ୬ ସ୍ଥାନରେ ତାପମାତ୍ରା ୪୦ ଡିଗ୍ରୀ ବା ତା'ଠାରୁ ଅଧିକ ରେକର୍ଡ କରାଯାଇଛି। ତେବେ ଆସନ୍ତା ୧୯ ତାରିଖ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ସ୍ଥାନରେ କାଳବୈଶାଖୀ ପ୍ରଭାବ ଜାରି ରହିବ। ☞ପୃଷ୍ଠା-୭




# ୟୁପିଆଇ, ହ୍ୱାଟ୍ସଆପ୍ ସର୍ଭର ଡାଉନ୍

ନୂଆଦିଲ୍ଲୀ, ୧୨।୪

ଦେଶବ୍ୟାପୀ ୟୁନାଇଟେଡ୍ ପେମେଣ୍ଟ ଇଣ୍ଟରଫେସ୍ (ୟୁପିଆଇ) ୟୁଜର୍ସମାନେ ଶନିବାର ଡିଜିଟାଲ ଦେଣନେଣ କରିବା ସମୟରେ ବିଭିନ୍ନ ସମସ୍ୟାର ସାମ୍ନା କରିଛନ୍ତି। ଯାନ୍ତ୍ରିକ ତ୍ରୁଟି ଯୋଗୁ ୟୁପିଆଇ ସର୍ଭର ଡାଉନ୍ ହୋଇଯାଇଥିବାରୁ ଅନେକ ଲକ୍ଷ ୟୁଜର୍ସ ପେଟିଏମ୍, ଫୋନ୍ ପେ', ଗୁଗଲ ପେ' ପରି ଡିଜିଟାଲ ପେମେଣ୍ଟସ୍ ପ୍ଲାଟ୍‌ଫର୍ମରେ ଅନ୍‌ଲାଇନ ବ୍ୟକ୍ତିଗତ ଏବଂ ବ୍ୟବସାୟିକ ଦେଣନେଣ କରିବାରେ ବିଫଳ ହୋଇଛନ୍ତି। ଗତ ୨ ସପ୍ତାହରେ ତୃତୀୟଥର ପାଇଁ ୟୁପିଆଇ ଡାଉନ୍ ହୋଇଛି। ପୂର୍ବରୁ ମାର୍ଚ୍ଚ ୨୬ ଏବଂ ଏପ୍ରିଲ ୨ରେ ମଧ୍ୟ ଏହିପରି ସମସ୍ୟା ଦେଖିବାକୁ ମିଳିଥିଲା। ଘଟଣାକୁ ନେଇ ୟୁପିଆଇକୁ ପରିଚାଳନା କରୁଥିବା ନ୍ୟାଶନାଲ ପେମେଣ୍ଟସ୍ କର୍ପୋରେଶନ ଅଫ୍ ଇଣ୍ଡିଆ (ଏନ୍‌ପିସିଆଇ) କହିଛି, ''ସମ୍ପ୍ରତି ଏନ୍‌ପିସିଆଇ ସାମୟିକ ଭାବେ ଯାନ୍ତ୍ରିକ ସମସ୍ୟାର ସମ୍ମୁଖୀନ ହେଉଥିବାରୁ ଶନିବାର କିଛିମାତ୍ରାରେ ୟୁପିଆଇ କାରବାର ବିଫଳ ହୋଇଛି। ଅନ୍ୟପକ୍ଷରେ, ଶନିବାର ଭାରତ ସମେତ ବିଭିନ୍ନ ଦେଶର ୟୁଜର୍ସମାନେ ଇନ୍‌ଷ୍ଟାଣ୍ଟ ମେସେଜିଂ ପ୍ଲାଟ୍‌ଫର୍ମ ହ୍ୱାଟ୍ସଆପ୍‌କୁ ବ୍ୟବହାର କରିବାରେ ମଧ୍ୟ ଅସୁବିଧା ଭୋଗ କରିଥିଲେ। ଭାରତୀୟ ସମୟ ସନ୍ଧ୍ୟା ୭ଟାରୁ କିଛି ସମୟ ପାଇଁ ହ୍ୱାଟ୍ସଆପରେ ମେସେଜ୍ ଡେଲିଭରି ହେଉ ନ ଥିବା ସହ ଷ୍ଟାଟସ୍ ଅପଲୋଡ୍ କରି ହେଉ ନାହିଁ ଦର୍ଶାଇ ଅନେକ ୟୁଜର୍ସ ଏକ୍ସ'ରେ ଅଭିଯୋଗ କରିଥିଲେ।



# ଆଜି କ'ଣ କେଉଁଠି

## ଭୁବନେଶ୍ୱର

- ୭୭ତମ ରାଜଧାନୀ ପ୍ରତିଷ୍ଠା ଦିବସ ସମାରୋହ, ସ୍ଥାନ: ଓଡ଼ିଶା ବିଧାନସୌଧ ସମ୍ମୁଖସ୍ଥ ଶିଳାନ୍ୟାସ ଫଳକ, ସମୟ: ସକାଳ ୬ଟା ୩୦ । ସନ୍ଧ୍ୟା ଅଧିବେଶନ, ସ୍ଥାନ: ଉତ୍କଳ ମଣ୍ଡପ, ସମୟ: ସନ୍ଧ୍ୟା ୬ଟା ।
- କୋଣାର୍କ ଓଡ଼ିଶା ପରିବାରର ୯ମ ବାର୍ଷିକ ସାହିତ୍ୟ ଉତ୍ସବ, ସ୍ଥାନ: ରାଜ୍ୟ ସଂଗ୍ରହାଳୟ ସମ୍ମିଳନୀ କକ୍ଷ, ସମୟ: ପୂର୍ବାହ୍ନ ୧୦ଟା ।
- ପ୍ରୟାସର ଆନୁଆଲ ମିଟ୍, ସ୍ଥାନ: ଲୋହିଆ ଏକାଡେମୀ, ସମୟ: ପୂର୍ବାହ୍ନ ୧୧ଟା ।
- ଖବରଦାତା ସମ୍ମିଳନୀ, ସ୍ଥାନ: ସରକାରୀ ହାଇସ୍କୁଲ, ବଡ଼ଗଡ଼, ସମୟ: ଅପରାହ୍ନ ୫ଟା ।
- ଦଶମ ସହଯୋଗ ସମ୍ବର୍ଦ୍ଧନା ସମାରୋହ ଓ ନବମ ସହଯୋଗ ସହାୟତା ସମ୍ବର୍ଦ୍ଧନା, ସ୍ଥାନ: ବୁଦ୍ଧ ମନ୍ଦିର, ସମୟ: ଅପରାହ୍ନ ୫ଟା ।

## କଟକ

- ଆମ ସଂସ୍କୃତି ଅନୁଷ୍ଠାନ ପକ୍ଷରୁ ବୈଶାଖୀ ଉତ୍ସବ, ସ୍ଥାନ: କଟକ ଶତାବ୍ଦୀ ଭବନ, ସମୟ: ସନ୍ଧ୍ୟା ୫ଟା ୩୦ ।
- ଶ୍ରୀ ବିଦ୍ୟା ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମ୍ୟୁଜିକ ଆଣ୍ଡ ଆର୍ଟ ପକ୍ଷରୁ ଦୁଇଦିନିଆ ବାର୍ଷିକ ଉତ୍ସବର ଉଦ୍‌ଯାପନୀ ସମାରୋହ, ସ୍ଥାନ: ମହାନଦୀ ଭବନ, ସମୟ: ସନ୍ଧ୍ୟା ୬ଟା ।
- ଶ୍ରୀଜଗନ୍ନାଥ ଚାରଣ ଗୋଷ୍ଠୀ ପକ୍ଷରୁ ଓଡ଼ିଆ ନବବର୍ଷ ପାଳନ ସମାରୋହ, ସ୍ଥାନ: କଲେଜ ଛକ ପୂଜା କମିଟି ସଭାଗୃହ, ସମୟ: ସନ୍ଧ୍ୟା ୬ଟା ୩୦ ।
- ସରସ୍ୱତୀ ଶିଶୁ ଜ୍ଞାନମନ୍ଦିରର ୭ମ ବାର୍ଷିକ ଉତ୍ସବ, ସ୍ଥାନ: ବିଦ୍ୟାଳୟ ପରିସର, ନୂଆପାଟଣା, ସମୟ: ରାତି ୭ଟା ।
- ଚିନ୍ମୟ ମିଶନ କଟକ ଆନୁକୂଲ୍ୟରେ ସ୍ୱାମୀ ସଦାନନ୍ଦ ସରସ୍ୱତୀଙ୍କ ସୁନ୍ଦରାକାଣ୍ଡ ପ୍ରବଚନର ଉଦ୍‌ଯାପନୀ, ସ୍ଥାନ: ଫିରିଙ୍ଗିବଜାର ଚିନ୍ମୟ ମିଶନ ପରିସର, ସମୟ : ରାତି ୭ଟା ।

## ପୁରୀ

- ଓଡ଼ିଆ କ୍ୟାଲେଣ୍ଡର ଲୋକାର୍ପଣ ଉତ୍ସବ, ସ୍ଥାନ: ସିଂହଦ୍ୱାର ସମ୍ମୁଖ, ସମୟ: ସକାଳ ୭ଟା ୪୫ ।
- ଅଧିକାର ଅନୁଷ୍ଠାନର ଶୁଭ ଉଦ୍‌ଘାଟନ ଉତ୍ସବ, ସ୍ଥାନ: କୁଳମଣି ଭବନ, ସମୟ: ପୂର୍ବାହ୍ନ ୧୦ଟା ।
- ନୀଳାଚଳ ତତ୍ତ୍ୱ ସନ୍ଧାନ ପରିଷଦର ଆଲୋଚନା ଚକ୍ର, ସ୍ଥାନ: ଜଗନ୍ନାଥ ବଲ୍ଲଭ ମଠ ପରିସର, ସମୟ: ପୂର୍ବାହ୍ନ ୧୧ଟା ।
- ସାହିଭାଇ ଅନୁଷ୍ଠାନର ବାର୍ଷିକୋତ୍ସବ, ସ୍ଥାନ: ସ୍ଥାନ: ମୁକ୍ତାକାଶ ରଙ୍ଗମଞ୍ଚ, ସମୟ: ଅପରାହ୍ନ ୫ଟା ।

## ଖୋର୍ଦ୍ଧା

- ସର୍ବଧର୍ମ ଶାନ୍ତି ସମ୍ମିଳନୀ ଉଦ୍‌ଯାପନୀ, ସ୍ଥାନ: କେରଙ୍ଗ, ସମୟ: ପୂର୍ବାହ୍ନ ୧୦ଟା ।
- ଶ୍ରୀରାମଚରିତ ମାନସ ପାରାୟଣ, ସ୍ଥାନ: ଶ୍ରୀରାମ ମନ୍ଦିର, ଖୋର୍ଦ୍ଧା, ସମୟ: ସନ୍ଧ୍ୟା ୭ଟା ।

## ବାଲେଶ୍ୱର

- ବରିଷ୍ଠ ମହିଳା କ୍ରିକେଟ ଚୟନ ଶିବିର, ସ୍ଥାନ: ପରମିଟ୍ ପଡ଼ିଆ, ବାଲେଶ୍ୱର, ସମୟ: ସକାଳ ୮ଟା ।
- ସିଏମ୍ ଟ୍ରଫି ଜିଲାସ୍ତରୀୟ ଫୁଟବଲ ଚାମ୍ପିୟନଶିପ୍ ସପ୍ତମ ଦିବସ, ସ୍ଥାନ: ସ୍ପୋର୍ଟ୍ସ ହଷ୍ଟେଲ ଗ୍ରାଉଣ୍ଡ, ଭୀମପୁରା, ବାଲେଶ୍ୱର, ସମୟ: ଅପରାହ୍ନ ୩ଟା ।
- ବାଲେଶ୍ୱର ପ୍ରିମିୟର ଲିଗ୍‌ର ଚତୁର୍ଥ ଦିବସ, ସ୍ଥାନ: ପରମିଟ୍ ପଡ଼ିଆ, ବାଲେଶ୍ୱର, ସମୟ: ଅପରାହ୍ନ ୩ଟା ।

## ଭଦ୍ରକ

- ଓଡ଼ିଆ ପକ୍ଷ ଅବସରରେ ଆମ ରୁଚି, ଆମ ଖାଦ୍ୟ ଉତ୍ସବ, ସ୍ଥାନ: ପୌରପାଳିକା ସଭାଗୃହ, ଭଦ୍ରକ, ସମୟ: ସକାଳ ୯ଟା ।
- ସିଦ୍ଧ ମହାବୀର ମନ୍ଦିରର ବାର୍ଷିକୋତ୍ସବ ଉପଲକ୍ଷେ ଅଧିବାସ, ସ୍ଥାନ: ଆଡ଼ିଆ ଗିରିଧାରୀନଗର, ବନ୍ତ, ସମୟ: ଅପରାହ୍ନ ୫ଟା ।
- ମିଛ କବିତା ସାହିତ୍ୟ ସଂସଦର ବାର୍ଷିକ ସମାବର୍ତ୍ତନ ସମାରୋହ, ସ୍ଥାନ: ମଠଡିହ ବଜାର, ଆରଡ଼ି, ସମୟ: ସନ୍ଧ୍ୟା ୬ଟା ।

## କେନ୍ଦୁଝର

- ହନୁମାନ ମନ୍ଦିରର ବିଗ୍ରହ ସ୍ଥାପନ ଓ ମନ୍ଦିର ପ୍ରତିଷ୍ଠା ଉତ୍ସବ, ଭଜନ ସନ୍ଧ୍ୟା, ସ୍ଥାନ: ଅଣା ଅଖଣ୍ଡ ଧନୀ ମଠ, ଛେନାପଦି, ସମୟ: ସକାଳ ୮ ଟା ।

## ମୟୂରଭଞ୍ଜ

- ବୁଢ଼ୀ ଠାକୁରାଣୀଙ୍କ ପୂଜା ଉତ୍ସବ, ସ୍ଥାନ: ଚିତ୍ରଡ଼ା ବସ୍‌ଷ୍ଟାଣ୍ଡ ଓ ଶୀର୍ଷାପାଳ ଛକ, ମୋରଡ଼ା, ସମୟ: ସକାଳ ୮ଟା ।
- ସିଏମ୍ ଟ୍ରଫି-୨୦୨୫ ଫୁଟବଲ ଟୁର୍ଣ୍ଣାମେଂଟରେ ଖେରୱାଲ ଜୁମିଦ ସହିତ ଶାନ୍ତିନିକେତନ ୱାଇସି, ସ୍ଥାନ: ଷ୍ଟାଡିୟମ ପଡିଆ ବାରିପଦା, ସମୟ: ସକାଳ ୮ଟା ।
- ମା' ଲାଲପାଟ ସାଲ ପାଟ ଗ୍ରାମଦେବୀଙ୍କ ଜନ୍ମ ବାର୍ଷିକୀ ଉତ୍ସବର ସର୍ବସାଧାରଣ ପୂଜା, ସ୍ଥାନ: ପୂର୍ଣ୍ଣଚନ୍ଦ୍ରପୁର ୱାର୍ଡ ନଂ ୧୫ ବାରିପଦା, ସମୟ: ସକାଳ ୯ ଟା ।

## ଢେଙ୍କାନାଳ

- ଶ୍ରୀ ହନୁମାନଙ୍କ ଜନ୍ମୋତ୍ସବ ଓ ସୁନ୍ଦରାକାଣ୍ଡ ପାଠର ଅଙ୍କୁରରୋପଣ, ସ୍ଥାନ: କାମାକ୍ଷାନଗର ହନୁମାନ ମନ୍ଦିର, ସମୟ: ଅପରାହ୍ନ ୫ଟା ।
- କାରୁବାକୀ ଉତ୍ସବର ଉଦଯାପନୀ କାର୍ଯ୍ୟକ୍ରମ, ସ୍ଥାନ: ଢେଙ୍କାନାଳ ମିନି ଷ୍ଟାଡିୟମ ପରିସର,ସମୟ:ସନ୍ଧ୍ୟା ୭ଟା ।

## ଜଗତ୍‌ସିଂହପୁର

- ପାରାଦୀପ ବନ୍ଦର ଚିକିତ୍ସାଳୟ ଓ କଳିଙ୍ଗ ହସ୍ପିଟାଲ ଭୁବନେଶ୍ୱର ମିଳିତ ଭାବେ ସ୍ୱାସ୍ଥ୍ୟ ପରୀକ୍ଷା ଶିବିର, ସ୍ଥାନ: ବନ୍ଦର ଚିକିତ୍ସାଳୟ, ବଡ଼ପଡିଆ, ପାରାଦୀପ ସମୟ: ସକାଳ ୮ ଟା ।
- ପାରାଦୀପ କଲେଜ ପରିସରରେ ରକ୍ତଦାନ ଶିବିର, ସ୍ଥାନ: କଲେଜ ପରିସର, ନୂଆବଜାର, ପାରାଦୀପ, ସମୟ: ସକାଳ ୮ ଟା ।
- ପାରାଦୀପ ନଗର କଂଗ୍ରେସ ପକ୍ଷରୁ ମଶାଲ ଶୋଭାଯାତ୍ରା ପାଇଁ ପ୍ରସ୍ତୁତି ବୈଠକ, ସ୍ଥାନ: ନଗର କଂଗ୍ରେସ କାର୍ଯ୍ୟାଳୟ, ବଡ଼ପଡ଼ିଆ ପାରାଦୀପ, ସମୟ: ଅପରାହ୍ନ ୪ ଟା ।

## କେନ୍ଦ୍ରାପଡ଼ା

- କେନ୍ଦ୍ରାପଡ଼ା ସାଇକେଲ କ୍ଲବ ପକ୍ଷରୁ ସ୍ୱାସ୍ଥ୍ୟ ସଚେତନତା କାର୍ଯ୍ୟକ୍ରମ, ସ୍ଥାନ: ପୁରୁଣା ବସଷ୍ଟାଣ୍ଡ, ସମୟ: ସକାଳ ୬ଟା ।
- ହନୁମତ୍ ପୂଜା କମିଟି ପକ୍ଷରୁ ଶ୍ରୀ ହନୁମାନ ଦେବଙ୍କ ପ୍ରତିଷ୍ଠା ଉତ୍ସବ ଓ ବିଶ୍ୱଶାନ୍ତି ମହାଯଜ୍ଞ, ସ୍ଥାନ: ମହିଁଷାସୁର, ରାଜନଗର, ସମୟ: ସକାଳ ୮ଟା ।
- ବ୍ରହ୍ମ ସେବା ଫାଉଣ୍ଡେଶନ ପକ୍ଷରୁ ଭାଗବତ ଓ ଗୀତା ପାଠ, ପ୍ରବଚନ କାର୍ଯ୍ୟକ୍ରମ, ସ୍ଥାନ: ବିମ୍ବଲେଇ କ୍ଷେତ୍ର ତାରିଣୀ ପୀଠ, ଶଙ୍ଖପୁର, ରାଜନଗର, ସମୟ: ସନ୍ଧ୍ୟା ୬ଟା ।

## ଯାଜପୁର

- ଅଖିଳ ଚକ୍ର ପକ୍ଷରୁ ମହାବିଷୁବ ମିଳନ ଓ କବିତା ପାଠୋତ୍ସବ, ସ୍ଥାନ : ବିଞ୍ଝାରପୁର ଅରିରୋ ଶାମେଶ୍ୱର ପୀଠ, ସମୟ : ପୂର୍ବାହ୍ନ ୯ଟା ।
- ଓଡ଼ିଶା ପକ୍ଷ ପାଳନ ଅବସରରେ ପାରମ୍ପରିକ ଖାଦ୍ୟ ଅଭିଯାନ,ସ୍ଥାନ : ଯାଜପୁର ଗୌତମ ବୁଦ୍ଧ ସଂସ୍କୃତି ଭବନ,ସମୟ : ପୂର୍ବାହ୍ନ ୧୦ଟା ।
- ରାଜ୍ୟସ୍ତରୀୟ ଡିଫା କପ୍‌ର ୧ମ ସେମିଫାଇନାଲ ମ୍ୟାଚ୍, ସ୍ଥାନ: ଧର୍ମଶାଳା ବାଣୀପୀଠ ଖେଳପଡ଼ିଆ, ସମୟ: ଅପରାହ୍ନ ୪ଟା ।

## ନୟାଗଡ଼

- ହାଣ୍ଡି ଭଙ୍ଗା ପବ ଉଦ୍‌ଯାପିତ, ସ୍ଥାନ:ଖଣ୍ଡପଡ଼ା ବ୍ଲକ ଜଗନ୍ନାଥପ୍ରସାଦର ମହିଷାଷୁଣୀ ପୀଠ, ସମୟ:ସକାଳ ୭ଟା ।
- ଚଇତି ପର୍ବର ୨ୟ ଦିବସ, ସ୍ଥାନ:କଣ୍ଟିଲୋ ଅତବୁଦ୍ଧିପାଟଣା, ଫକିର ଅତବୁଦ୍ଧିପାଟଣା, କଂସାରିସାହି ପାଟଣା, ସିଦ୍ଧମୂଳା ନୀଳକଣ୍ଠେଶ୍ୱର ମନ୍ଦିର, ସମୟ:ମଧ୍ୟାହ୍ନ ୧୨ଟା ।
- ଝାମୁଯାତ୍ରା, ସ୍ଥାନ:କଣ୍ଟିଲୋ ପାଣ୍ଡୁସାହୁ ପାଟଣା ତିଅରସାହ, ସମୟ: ଅପରାହ୍ନ ୧ଟା ।

## ରାୟଗଡ଼ା

- ମୁନିଗୁଡ଼ାରେ ମା' ରୁଦ୍ର କାଳୀଙ୍କ ଦଣ୍ଡନାଚ, ସ୍ଥାନ: ପାଇକସାହି ମହାଲକ୍ଷ୍ମୀ ପୂଜା ପଡିଆ, ମୁନିଗୁଡା, ସମୟ: ସକାଳ ୯ଟା ।
- ନୂତନ ହନୁମାନ ମୂର୍ତ୍ତିଙ୍କ ପ୍ରାଣ ପ୍ରତିଷ୍ଠା ଉତ୍ସବ, ସ୍ଥାନ: ଡାଙ୍ଗସୋରଡ଼ାସ୍ଥିତ ଇନ୍ଦିରା ନଗର, ଚନ୍ଦ୍ରପୁର, ସମୟ: ପୂର୍ବାହ୍ନ ୧୦ଟା ।

## ନବରଙ୍ଗପୁର

- ଓଡ଼ିଆ ପକ୍ଷ ପାଳନ ଅବସରରେ ପାରମ୍ପରିକ ଖାଦ୍ୟ କାର୍ଯ୍ୟକ୍ରମ, ସ୍ଥାନ: ନବରଙ୍ଗପୁର ଜିଲାପାଳଙ୍କ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା ।

## କୋରାପୁଟ

- ବର୍ଷା ସାହିତ୍ୟ ସଂସଦର ବାର୍ଷିକ ସାରସ୍ୱତ ସମାରୋହ, ସ୍ଥାନ:ଦାମନଯୋଡ଼ି ନାଲକୋ ଟାଉନ୍‌ସିପ୍‌ସ୍ଥିତ ସରସ୍ୱତୀ ବିଦ୍ୟାମନ୍ଦିର, ସମୟ: ସକାଳ ୯ଟା ୩୦ ।
- ସପ୍ତମ ବାର୍ଷିକ ବିଶ୍ୱଶାନ୍ତି ଅଖଣ୍ଡ ବ୍ରହ୍ମଯଜ୍ଞ ଉପଲକ୍ଷେ ପ୍ରସ୍ତୁତି ବୈଠକ, ସ୍ଥାନ: ମହିମା ଆଶ୍ରମ, ମସୁରୀ, ସମୟ:ପୂର୍ବାହ୍ନ ୧୧ଟା ।
- ବୁଢ଼ୀ ଠାକୁରାଣୀ ଯାତ୍ରା, ସ୍ଥାନ: ସୁନାବେଡ଼ା-୧, ସମୟ: ଅପରାହ୍ନ ୨ ଟା ।

## ମାଲକାନଗିରି

- ମାଥିଲି ଲ୍ୟାମ୍ପସ୍ ରଥ ଶୁଭାରମ୍ଭର ୨ ଦିନ, ସ୍ଥାନ: ୪ ପଞ୍ଚାୟତ ପରିଭ୍ରମଣ, ସମୟ: ସକାଳ ୭ଟା ।
- ଚିତ୍ରକୋଣ୍ଡା ବନାଞ୍ଚଳର ପଶୁପକ୍ଷୀ ଶିକାର ନିଷେଧ ପଥପ୍ରାନ୍ତ ନାଟକ, ସ୍ଥାନ: ଚିତ୍ରକୋଣ୍ଡା ଦୈନିକ ବଜାର, ସମୟ:ପୂର୍ବାହ୍ନ ୧୦ଟା ୩୦ ।

## ସମ୍ବଲପୁର

- ୩୭ତମ ଚବିଶ ପ୍ରହର ଅଖଣ୍ଡ ନାମଯଜ୍ଞ ଉଦ୍‌ଯାପନ, ସ୍ଥାନ : ଚାଉଁରପୁର ଗ୍ରାମ, ସମୟ : ସକାଳ ୮ଟା ।
- ବନ୍ଦନା ଆର୍ଟ କର୍ନର ଆୟୋଜିତ ଚିତ୍ରକଳା ପ୍ରଦର୍ଶନୀ ଫ୍ୟୁଜନ-୨୦୨୫ ଉଦ୍‌ଘାଟନୀ ଉତ୍ସବ, ସ୍ଥାନ : ଫାର୍ମ ରୋଡ ସ୍ଥିତ ସିଟି ସେଣ୍ଟର, ସମୟ : ସକାଳ ୯ଟା ।
- ଜିଲାପ୍ରଶାସନ ଆୟୋଜନରେ ପାରମ୍ପରିକ ଖାଦ୍ୟ କାର୍ଯ୍ୟକ୍ରମ, ସ୍ଥାନ : ତପସ୍ୱିନୀ ପ୍ରେକ୍ଷାଳୟ, ସମୟ : ପୂର୍ବାହ୍ନ ୧୦ଟା ।

## ରାଉରକେଲା

- ହନୁମାନ ଜୟନ୍ତୀ ପାଳିତ,ସ୍ଥାନ: ଶଙ୍କଟ ମୋଚନ ମନ୍ଦିର, ଷ୍ଟେସନରୋଡ, ସମୟ: ସକାଳ ସାଢେ ୫ଟା ।
- ଅଲ ଇଣ୍ଡିଆ ଫୁଟବଲ ଟୁର୍ନାମେଣ୍ଟ,ସ୍ଥାନ: ବିର୍ସାମୁଣ୍ଡା ଆଥଲେଟିକ୍ ଷ୍ଟାଡିୟମ, ସମୟ: ସନ୍ଧ୍ୟା ସାଢେ ୬ଟା ।
- ଜିଲା କବାଡି ଟୁର୍ନାମେଣ୍ଟ, ସ୍ଥାନ: ପାଙ୍କିଟାଙ୍କି ଖେଳ ପଡିଆ, ବାସନ୍ତୀ କଲୋନୀ ସମୟ: ସନ୍ଧ୍ୟା ସାଢେ ୬ଟା ।
- ସୁଶୀଲାବତୀ ମହିଳା ମହାବିଦ୍ୟାଳୟରେ ଓଡିଆ ପକ୍ଷ ପାଳନ ସମାବେଶ,ସ୍ଥାନ:ସେକ୍ଟର- -୨,ସମୟ:ପୂର୍ବାହ୍ନ ୧୦ଟା।

## ବରଗଡ଼

- ସି. ଏମ ଟ୍ରଫି ଫୁଟବଲ,ସ୍ଥାନ: ଲେଙ୍ଗୁ ମିଶ୍ର ଷ୍ଟାଡିୟମ, ବରଗଡ଼, ସମୟ:ସକାଳ ୮ଟା ।
- ପପଙ୍ଗା ପାହାଡ଼ ମହୋତ୍ସବ କଳସଯାତ୍ରା, ସ୍ଥାନ: ପପଙ୍ଗା ପାହାଡ଼, ଭେଡେନ, ସମୟ: ସକାଳ ୮ଟା ।
- ପାରମ୍ପରିକ ଖାଦ୍ୟ ଉପରେ ସଚେତନତା କାର୍ଯ୍ୟକ୍ରମ, ସ୍ଥାନ: ସଂସ୍କୃତି ଭବନ, ବରଗଡ଼, ସମୟ: ସକାଳ ୯ଟା ।
- ଗୋ ବିଜ୍ଞାନ ପ୍ରଶିକ୍ଷଣ କର୍ମଶାଳା, ସ୍ଥାନ: ତପୋବନ, ବରଗଡ଼, ସମୟ: ଅପରାହ୍ନ ୩ଟା ।

## କଳାହାଣ୍ଡି

- ଅନ୍ତର୍ଜାତୀୟ ଶିଶୁ ଚଳଚ୍ଚିତ୍ର ମହୋତ୍ସବ ଉଦ୍‌ଘାଟନ, ସ୍ଥାନ: ଭବାନୀପାଟଣା ବିକାଶ ଇନଷ୍ଟିଚ୍ୟୁଶନ, ସମୟ: ପୂର୍ବାହ୍ନ ୧୦ଟା ।
- ଓଡ଼ିଆପକ୍ଷ ପାଳନ ଅବସରରେ ଓଡ଼ିଆ ଖାଦ୍ୟ ଓ ଅନ୍ୟାନ୍ୟ ପ୍ରତିଯୋଗିତା, ସ୍ଥାନ: ଭବାନୀପାଟଣା ବ୍ରଜମୋହନ ଉଚ୍ଚ ବିଦ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା ।
- ଷୋହଳପ୍ରହର ନାମଯଜ୍ଞର କଳସଯାତ୍ରା ଓ ଅଧିବାସ, ସ୍ଥାନ: ଲାଞ୍ଜିଗଡ଼ ସାପ୍ତାହିକ ବଜାର ପରିସର, ସମୟ: ଅପରାହ୍ନ ୩ଟା ୦୫ ।

## ବୌଦ୍ଧ

- ବୌଦ୍ଧ ରାମଲିଳା ନାଟ୍ୟ ସଂସଦ ପକ୍ଷରୁ ରାମଲିଳା ଯାତ୍ରାର ଅଷ୍ଟମ ଦିନ ନାଟକ ଲଙ୍କାଦହନ,ସ୍ଥାନ: ରଘୁନାଥ ମନ୍ଦିର ପ୍ରାଙ୍ଗଣ ପଡିଆ, ବୌଦ୍ଧ, ସମୟ: ରାତି ୯ଟା ।
- ବହିରା ରାମଲିଳା ନାଟ୍ୟ ସଂସଦ ପକ୍ଷରୁ ରାମଲିଳା ଯାତ୍ରାର ଅଷ୍ଟମ ଦିବସ ନାଟକ ସୁଗ୍ରୀବ ମିତ୍ରତା ଓ ବାଳୀବଧ,ସ୍ଥାନ: ବହିରା ରାମଲିଳା ମଣ୍ଡପ,ବହିରା, ସମୟ:ରାତି ୯ଟା ।

## ଦେବଗଡ଼

- ସତ୍ୟ ସାଇ ମନ୍ଦିର କମିଟି ପକ୍ଷରୁ ନଗର କୀର୍ତ୍ତନ ପରିକ୍ରମା, ସ୍ଥାନ: ଦେବଗଡ଼ ସହର, ସମୟ: ପ୍ରାତଃ ୪ଟା ।
- ପାରମ୍ପରିକ ଖାଦ୍ୟ ଦିବସ ପାଳନ, ଆମ ରୁଚି ଆମ ଖାଦ୍ୟ, ସ୍ଥାନ: ସଂସ୍କୃତି ଭବନ, ସମୟ: ସକାଳ ୮ଟା ।
- ଶ୍ରୀ ରାମନବମୀ ମହୋତ୍ସବ ପୂଜା, ସ୍ଥାନ: ଗୋପାଳଜୀ ମନ୍ଦିର, ଦେବଗଡ଼, ସମୟ: ପୂର୍ବାହ୍ନ ୧୦ଟା ।

## ସୁବର୍ଣ୍ଣପୁର

- ଓଡ଼ିଆ ପକ୍ଷ ଅବସରରେ ପାରମ୍ପରିକ ଖାଦ୍ୟ ଦିବସ ପାଳନ, ସ୍ଥାନ: ସୁବର୍ଣ୍ଣପୁର ପୌର ପରିଷଦ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା ।
- ମୁଖ୍ୟମନ୍ତ୍ରୀ ଅନ୍ତଃକ୍ଲବ ଫୁଟବଲ୍ ଚାମ୍ପିୟନଶିପ୍‌ର ଷଷ୍ଠ ଦିବସ, ସ୍ଥାନ: ସୋନପୁର ଗାନ୍ଧୀ ଷ୍ଟାଡିୟମ, ସମୟ: ଅପରାହ୍ନ ୪ଟା ।

## ନୂଆପଡ଼ା

- ଆମ ରୁଚି ଆମ ଖାଦ୍ୟ ଉତ୍ସବ ପାଳନ, ସ୍ଥାନ: ବିଜ୍ଞାପିତ ଅଞ୍ଚଳ ପରିଷଦ କାର୍ଯ୍ୟାଳୟ ନୂଆପଡା, ସମୟ: ଅପରାହ୍ନ ୩ଟା ।
- ଫ୍ଲଡ୍‌ଲାଇଟ ତରବୋଡ ପ୍ରିମିୟର ଲିଗ୍ କ୍ରିକେଟ ଦ୍ୱିତୀୟ ସନ୍ଧ୍ୟା, ସ୍ଥାନ: କୋମନା ବ୍ଲକ ତରବୋଡ ରାଜୀବ ଗାନ୍ଧୀ ମିନି ଷ୍ଟାଡିୟମ, ସମୟ: ସନ୍ଧ୍ୟା ୭ଟା ।

## ଝାରସୁଗୁଡ଼ା

- ଚୈତ୍ର ପୂର୍ଣ୍ଣିମା ପାଳନ, ସ୍ଥାନ: କୋଇଲି ଗୁଘର, ସମୟ: ସକାଳ ୮ଟା ।
- ୨୪ ପ୍ରହର ନାମ ସଂକୀର୍ତ୍ତନ, ସ୍ଥାନ: କାଲୋପଡ୍ରା ନାମ ମଣ୍ଡପ, ସମୟ: ସକାଳ ୯ଟା ।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ** ଆଜି ପରିବାରର ସୁବିଧା ଅସୁବିଧା ସମ୍ପର୍କରେ ବନ୍ଧୁଙ୍କ ସହ ଆଲୋଚନା କରିପାରନ୍ତି । ପରୋକ୍ଷ ଶତ୍ରୁତା କାରଣରୁ ସୁଯୋଗ ହରାଇବା ସକାଶେ ବ୍ୟଥିତ ହେବେ । ଭ୍ରାତୃ ସମ୍ପର୍କୀୟ ଜଣେ ବନ୍ଧୁ ସାହାଯ୍ୟର ଅର୍ଥ ପାଇଁ ପ୍ରତିଶ୍ରୁତି ଦେଇପାରନ୍ତି । ଯାତ୍ରାରେ ବିଳମ୍ବିତ ସମୟରେ କୃତ୍ତିକା ଲକ୍ଷ୍ୟସ୍ଥଳରେ ପହଞ୍ଚିବାର ସୂଚନା ରହିଛି ।

**ବୃଷ** ଶାରୀରିକ ସ୍ୱାସ୍ଥ୍ୟ ଭଲ ରହିଲେ ମଧ୍ୟ ମାନସିକ ସ୍ଥିତି ଦୋଦୁଲ୍ୟମାନ ଅବସ୍ଥାରେ ରହିବ । ମୃଗଶିରା ନକ୍ଷତ୍ର ସକାଳୁ ସକାଳୁ କୌଣସି ବ୍ୟକ୍ତି ସହ ତର୍କ କରି ମନଟା ବିଗିଡ଼ି ଯାଇପାରେ । ପ୍ରତିବେଶୀଙ୍କ ସହ ସମ୍ପର୍କ ମଧୁର ରହିବା ଦ୍ୱାରା କେତେକ କାମ ହାସଲ କରିପାରିବେ । ବନ୍ଧୁ ଗହଣରେ ଇଚ୍ଛା ନ ଥିଲେ ମଧ୍ୟ ପରିସ୍ଥିତିରେ ପଡ଼ି ଖର୍ଚ୍ଚାନ୍ତ ହେବେ ।

**ମିଥୁନ** କାମ ହାସଲ ସକାଶେ ପ୍ରିୟଜନଙ୍କ ସହଯୋଗର ଆବଶ୍ୟକତାକୁ ପ୍ରାଧାନ୍ୟ ଦେବେ । ଆର୍ଦ୍ରା ନକ୍ଷତ୍ରର ପ୍ରଶାସନିକ ସ୍ତରରେ କାମ ଅଟକି ରହିଥିବାରୁ ମନ ଭଲ ରହିନପାରେ । ଆବଶ୍ୟକତା ପୂରଣ ସକାଶେ ଧାର କରଜ କରି କାମ ଚଳାଇ ନେଇପାରନ୍ତି । କର୍ମକ୍ଷେତ୍ର କିମ୍ବା ବୃତ୍ତିଗତ ଧନ୍ଦାରେ ନୂତନ ଦାୟିତ୍ୱ ହାତକୁ ନେବାକୁ ପଡ଼ିପାରେ ।

**କର୍କଟ** ପରିବାରର ପୁରୁଣା ସମସ୍ୟାଗୁଡ଼ିକ ତୁଟି ଯାଇଥିଲେ ମଧ୍ୟ ନୂତନ ସମସ୍ୟା ଦେଖାଦେବ । ସାମାଜିକ ସ୍ତରରେ ପ୍ରଶଂସା ଓ ପ୍ରୋତ୍ସାହନ ପାଇ ମନୋବଳ ବୃଦ୍ଧି ପାଇବ । ଅଶ୍ଳେଷା ନକ୍ଷତ୍ର ଅନିୟମିତ ଭୋଜନଜନିତ ପେଟପୀଡ଼ା ଅନୁଭବ କରିପାରନ୍ତି । ସ୍ଥଗିତ କାମର ବହୁଳତାଜନିତ କର୍ମକ୍ଷେତ୍ରରେ ଭାବୁଥିବା କାମଟିକୁ ଆଜି ଶେଷ କରିପାରିବେନି ।

**ସିଂହ** ପୂର୍ବର କଳହକୁ ମନେପକାଇ ଦେଖିଲେ ମଧ୍ୟ ବନ୍ଧୁ ମୁହଁ ଫେରାଇ ନେଇପାରନ୍ତି । ମଘା ନକ୍ଷତ୍ର ସହକର୍ମୀଙ୍କ ସହ ଭୁଲ୍ ବୁଝାମଣା ଯୋଗୁ ସନ୍ଦେହୀ ମନ ବୁଝିବ ନାହିଁ । ଆଜିର ଯାତ୍ରା, ଭ୍ରମଣ ରାଜନୀତି, ପ୍ରଶାସନ ପାଇଁ ଭଲ । ପରିସ୍ଥିତି ଯାହା ହେଉନା କାହିଁକି ନିଜକୁ ନିୟନ୍ତ୍ରଣରେ ରଖିବାରେ ସମର୍ଥ ହେବେ ।

**କନ୍ୟା** କର୍ମକ୍ଷେତ୍ରରେ ତରବରିଆ ହୋଇ କୌଣସି କାମ କରନ୍ତୁ ନାହିଁ, ଯାହାକି ସମସ୍ୟାର କାରଣ ହେବ । ଆବଶ୍ୟକୀୟ ଜିନିଷପତ୍ର ଅଭାବରୁ ଉନ୍ନୟନ କାମ ବାଧାପ୍ରାପ୍ତ ହେବ । ଉତ୍ତରା ଫାଲ୍‌ଗୁନୀ ନକ୍ଷତ୍ର ସଭାସମିତିରେ ସଂଯମତା ରକ୍ଷା ନ କଲେ ବିବାଦଗ୍ରସ୍ତ ହେବେ । ଖୋଜି ଖୋଜି ଆଶା ଛାଡ଼ିଦେଇଥିବା ଜିନିଷଟି ହଠାତ୍ ପାଇଯିବେ ।

**ତୁଳା** ବନ୍ଧୁମିଳନ ପରିବେଶରେ ମିତ୍ରତା ବନ୍ଧନରେ ଆବଦ୍ଧ ହେବେ । ଭଲ ସମ୍ପର୍କ ନଥିବା ବ୍ୟକ୍ତିଙ୍କ ଦ୍ୱାରା କର୍ମକ୍ଷେତ୍ରରେ ମିଥ୍ୟା ଗୁଜବ ମନକୁ ଆତଙ୍କିତ କରିବ । ଦେବ ଦର୍ଶନ ସାଙ୍ଗକୁ ଭ୍ରମଣ ସୁଯୋଗର ସୂଚନା ରହିଛି । ସ୍ୱାତୀ ନକ୍ଷତ୍ର ସକାଶେ ଆଜିର ଯାତ୍ରା, କଳା, ସାହିତ୍ୟ କ୍ଷେତ୍ରରୁ ପ୍ରଶଂସିତ ହେବେ । ସ୍ୱାସ୍ଥ୍ୟ ସମସ୍ୟା ମନକୁ ଭାରାକ୍ରାନ୍ତ କରିବ ।

**ବିଛା** ଜ୍ୟେଷ୍ଠା ନକ୍ଷତ୍ରର କର୍ମକ୍ଷେତ୍ରରେ ସମ୍ମାନ ଲାଭ ଓ ପଦମର୍ଯ୍ୟାଦା ବୃଦ୍ଧି ପାଇବ । ଯାନ୍ତ୍ରିକ ତ୍ରୁଟି ସୁଧୁରିନଥିବା କାରଣରୁ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେବାକୁ ପଡ଼ିପାରେ । ଖାଦ୍ୟପେୟ ଠିକ୍ ରହିବ ନାହିଁ, ଫଳରେ ସ୍ୱାସ୍ଥ୍ୟହାନି ଘଟିପାରେ । ଆନୁଷ୍ଠାନିକ କାମ, ଧାର୍ମିକ କାର୍ଯ୍ୟ ଓ ସଭାସମିତି ପାଇଁ ବ୍ୟଗ୍ରତା ପ୍ରକାଶ ପାଇବ ।

**ଧନୁ** ଉତ୍ତରାଷାଢ଼ା ନକ୍ଷତ୍ରର ପରସ୍ପର ମିଳାମିଶାରୁ ପାରିବାରିକ ସମସ୍ୟାର ସମାଧାନ ଘଟିବ । କର୍ମକ୍ଷେତ୍ରରେ ଅବହେଳା କାରଣରୁ କୈଫିୟତ ଦେବାକୁ ପଡ଼ିପାରେ । ଈର୍ଷାପରାୟଣତା କାରଣରୁ ଆତ୍ମୀୟମାନେ କ୍ରମଶଃ ଦୂରେଇ ଯାଇପାରନ୍ତି । ନିଜର ଇଚ୍ଛା ବିରୋଧରେ କୌଣସି କାମ କରି ପଶ୍ଚାତ୍ତାପ କରିବାକୁ ପଡ଼ିପାରେ ।

**ମକର** ପୂର୍ବର ସମ୍ମାନ ଫେରିପାଇବା କିମ୍ବା କର୍ମକ୍ଷେତ୍ରରେ ପୁନଃ ନିଯୁକ୍ତି ଖବର ପାଇ ମନ ଖୁସି ହୋଇଯିବ । ନିକଟରେ ରହୁଥିବା ଲୋକଟି ସାହାଯ୍ୟରେ ଗୁରୁତ୍ୱପୂର୍ଣ୍ଣ କାମ ହାସଲ କରିବେ । ଦରକାରୀ ଜିନିଷଟି ଅନ୍ୟକୁ ଦେଇ ଅପଦସ୍ଥ ହୋଇପାରନ୍ତି । ଧନିଷ୍ଠା ନକ୍ଷତ୍ରର ଶିଳ୍ପ, ବ୍ୟବସାୟ ଓ ପରିବହନରେ ସମସ୍ୟା ଦୂର ହୋଇଯିବ ।

**କୁମ୍ଭ** ଶାରୀରିକ ସୁସ୍ଥତା ସାଙ୍ଗକୁ ଦୃଢ଼ ମନୋବଳ ସ୍ଥଗିତ କାମକୁ ତ୍ୱରାନ୍ୱିତ କରାଇବାରେ ସାହାଯ୍ୟ କରିବ । ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ନୂତନ ପଦକ୍ଷେପ ଗ୍ରହଣ କରିବେ । ବ୍ୟସ୍ତତାଜନିତ ପାରିବାରିକ କ୍ଷେତ୍ରରେ ଅବହେଳିତ କାର୍ଯ୍ୟ ସକାଶେ ଅନୁତାପ କରିବେ । ଶତଭିଷା ବନ୍ଧୁଙ୍କ ଦ୍ୱାରା ଅନୁପ୍ରେରିତ ହୋଇ ସତ୍‌ସଙ୍ଗ ପାଇଁ ମନ ବଳାଇବେ ।

**ମୀନ** ପାରିବାରିକ ଶାନ୍ତି ଓ ସୁସ୍ଥତା ବ୍ୟାହତ ହେବ । ବନ୍ଧୁଙ୍କ ଦ୍ୱାରା ବସ୍ତ୍ରଭୂଷଣ ପ୍ରାପ୍ତି ଯୋଗ ରହିଛି । କର୍ମକ୍ଷେତ୍ରରେ ବାରମ୍ବାର ବିଫଳତାକୁ ନେଇ ଅନ୍ୟମାନଙ୍କୁ ସନ୍ଦେହ ଦୃଷ୍ଟିରେ ଦେଖିପାରନ୍ତି । ରେବତୀ ନକ୍ଷତ୍ରର ବାଣିଜ୍ୟ ଓ କଳା ସାହିତ୍ୟରେ ସମସ୍ୟା ସମାଧାନ ହୋଇଯିବ । କଚେରି ମାମଲା କିମ୍ବା ଜମିଜମା ଗଣ୍ଡଗୋଳ ଉଗ୍ରରୂପ ଧାରଣ କରିପାରେ ।

ଆଜି ଏପ୍ରିଲ ୧୩ ତାରିଖ, ଜାଲିଆନାୱାଲାବାଗ ଦିବସ, ରାଜଧାନୀ ଭୁବନେଶ୍ୱରର ପ୍ରତିଷ୍ଠା ଦିବସ, ମାସାନ୍ତ, ବୈଶାଖ କୃଷ୍ଣ ପ୍ରତିପଦା ରବିବାର, ରାଶି ନକ୍ଷତ୍ର-ଚିତ୍ରା/କନ୍ୟା ଘ.୦୭।୩୮ ଗତେ ତୁଳା/ଚନ୍ଦ୍ର, ପ୍ରତିପଦାର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ, ସକାଳ ଘ.୦୫।୩୪ ଗତେ ଘ. ୦୯।୪୨ ମଧ୍ୟେ, ଘ.୦୧।୨୦ ଗତେ ଘ.୦୧.୫୧ ମଧ୍ୟେ ଶୁଦ୍ଧ ଶୁଭବେଳା । ସକାଳ ଘ. ୦୪।୨୭ ଗତେ ଘ.୦୬।୦୦ ମଧ୍ୟେ ରାହୁକାଳ ।

# ବେଦାନ୍ତ ବିଶ୍ୱବିଦ୍ୟାଳୟ ଜମି ମାମଲା: ଜନସାଧାରଣଙ୍କ ଅଧିକାର ଓ ନ୍ୟାୟିକ ବିଜୟ

ଓଡ଼ିଶାର ପୁରୀ ଜିଲାର ୨୨ଟି ମୌଜାର ଚାଷୀଙ୍କ ଜମି ରକ୍ଷା ପାଇଁ ଏକ ଦୀର୍ଘ ସଂଘର୍ଷର କାହାଣୀ ଆଜି ମଧ୍ୟ ଆଲୋଚନାର ବିଷୟ ହୋଇରହିଛି। ବେଦାନ୍ତ ବିଶ୍ୱବିଦ୍ୟାଳୟ ପ୍ରକଳ୍ପ ନାମରେ ଅନିଲ ଅଗ୍ରୱାଲଙ୍କ ଅନିଲ ଅଗ୍ରୱାଲ ଫାଉଣ୍ଡେଶନ ଦ୍ୱାରା ଜମି ଅଧିଗ୍ରହଣ ପ୍ରକ୍ରିୟା ଏକ ବିଶାଳ ଦୁର୍ନୀତିର ରୂପ ନେଇଥିଲା । ଏହି ପ୍ରକ୍ରିୟାରେ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଅମୃତ ମଣୋହି ଜମି ପ୍ରାୟ ୧,୩୦୦ ଏକର ସାମିଲ ଥିଲା । ଏହି ଅମୃତ ମଣୋହି ଜମିରୁ ଉତ୍ପାଦିତ ଧାନ, ମୁଗ ଓ ଅନ୍ୟାନ୍ୟ ଫସଲ ଅମଳ ହୋଇ ଶ୍ରୀମନ୍ଦିରରେ ଭୋଗ ପ୍ରସ୍ତୁତି ପାଇଁ ବ୍ୟବହୃତ ହୁଏ, ଯାହା ଏକ ପ୍ରାଚୀନ ପ୍ରଥା । ଏହି ଦୁର୍ନୀତି ବିରୋଧରେ ସ୍ଥାନୀୟ ଚାଷୀମାନେ ଏକଜୁଟ ହୋଇ ଲଢ଼ିଥିଲେ, ଯେଉଁଥିରେ ସ୍ୱର୍ଗତ ବେଣୁଧର ପ୍ରଧାନଙ୍କ ନେତୃତ୍ୱ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲା । ୨୦୨୩ ଏପ୍ରିଲ ୧୨ ତାରିଖରେ ସୁପ୍ରିମକୋର୍ଟ ଏହି ଜମି ଅଧିଗ୍ରହଣକୁ ଅବୈଧ ଘୋଷଣା କରି ଚାଷୀଙ୍କ ପକ୍ଷରେ ରାୟ ଦେଇଥିଲେ । ତେଣୁ ଏପ୍ରିଲ ୧୨ ତାରିଖକୁ କୃଷକଙ୍କ ବିଜୟ ଦିବସ ଭାବେ ଗ୍ରହଣ କରାଯାଇଛି। ସେହି ରାୟକୁ ଦୁଇବର୍ଷ ପୂର୍ଣ୍ଣ ହୋଇଛି। କିନ୍ତୁ ଦୁଃଖର ବିଷୟ ଯେ ସରକାର ଏହି ରାୟକୁ କାର୍ଯ୍ୟକାରୀ କରିବା ପାଇଁ କୌଣସି ପଦକ୍ଷେପ ନେଇନାହାନ୍ତି। ଏହି ଲେଖାରେ ଆମେ ଏହି ସଂଘର୍ଷର ପୂରା କାହାଣୀ, ଚାଷୀଙ୍କ ବିଜୟ, ଓକିଲମାନଙ୍କ ଅବଦାନ, ଗଣମାଧ୍ୟମ, ରାଜନେତା, ଶ୍ରୀମନ୍ଦିର ସେବାୟତ ଓ ରାଜନୈତିକ ଦଳମାନଙ୍କ ଅବଦାନ ଏବଂ ସରକାରୀ ଅବହେଳା ଉପରେ ଆଲୋକପାତ କରିବା।

### ଜମି ଅଧିଗ୍ରହଣ ଓ ଦୁର୍ନୀତିର ଆରମ୍ଭ

୨୦୦୬ରେ ଅନିଲ ଅଗ୍ରୱାଲଙ୍କ ଅନିଲ ଅଗ୍ରୱାଲ ଫାଉଣ୍ଡେଶନ ଓଡ଼ିଶା ସରକାରଙ୍କ ସହ ଏକ ବୁଝାମଣାପତ୍ର (ଏମ୍‌ଓୟୁ) ସ୍ୱାକ୍ଷର କରି ପୁରୀ ଜିଲାରେ ଏକ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ପ୍ରସ୍ତାବ ଆଣିଥିଲା । ଏହି ପ୍ରକଳ୍ପ ପାଇଁ ପ୍ରାୟ ୬,୮୯୨ ଏକର ଜମି ଅଧିଗ୍ରହଣ କରାଯିବାର ଯୋଜନା ହୋଇଥିଲା, ଯେଉଁଥିରୁ ଅଧିକାଂଶ ଜମି ଥିଲା କୃଷିଜମି ଏବଂ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଅମୃତ ମଣୋହି ଜମି। ଜମି ଅଧିଗ୍ରହଣ ପ୍ରକ୍ରିୟା ଆରମ୍ଭ ହେବାରୁ ସ୍ଥାନୀୟ ଚାଷୀମାନେ ଏହାର ବିରୋଧ କରିଥିଲେ। ୨୨ଟି ମୌଜାର ବାସିନ୍ଦା ଏକାଠି ହୋଇ ଏହି ଅଧିଗ୍ରହଣ ବିରୋଧରେ ଆନ୍ଦୋଳନ ଆରମ୍ଭ କରିଥିଲେ। ଏହି ପ୍ରକ୍ରିୟାରେ ଅନିଲ ଅଗ୍ରୱାଲ ଫାଉଣ୍ଡେଶନ ଏବଂ ତତ୍କାଳୀନ ଓଡ଼ିଶା ସରକାରଙ୍କ ମଧ୍ୟରେ ଏକ ଅସ୍ୱାଭାବିକ ସମ୍ପର୍କ ଦେଖାଦେଇଥିଲା, ଯାହାକୁ ଏକ ଭିତିରି ବୁଝାମଣା ଭାବେ ବର୍ଣ୍ଣନା କରାଯାଇଥିଲା। ଏହି ଦୁର୍ନୀତିରେ ତତ୍କାଳୀନ ପୁରୀ ଜିଲାପାଳଙ୍କଠାରୁ ଆରମ୍ଭ କରି ପୂର୍ବତନ ମୁଖ୍ୟ ଶାସନ ସଚିବଙ୍କ ପର୍ଯ୍ୟନ୍ତ ଅନେକ ପବ୍ଲିକ ସର୍ଭାଣ୍ଟ ଜଡ଼ିତ ଥିଲେ। ପୂର୍ବତନ ମୁଖ୍ୟ ଶାସନ ସଚିବ ଯିଏ ଜଣେ ପ୍ରଭାବଶାଳୀ ଆଇଏଏସ୍ ଅଫିସର ଥିଲେ ଏବଂ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦପ୍ତରରେ କାମ କରୁଥିଲେ ସେ ଏହି ପ୍ରକଳ୍ପକୁ ଅତ୍ୟଧିକ ପ୍ରୋତ୍ସାହନ ଦେଇଥିଲେ। ଏହା ପରେ ଲୋକପାଳଙ୍କ ତଦନ୍ତରେ ଏକ ଦୁର୍ନୀତି ଭାବେ ଉଜାଗର ହୋଇଥିଲା । ୨୦୧୦ରେ ଓଡ଼ିଶା ଲୋକପାଳ ଏହି ଜମି ଅଧିଗ୍ରହଣ ପ୍ରକ୍ରିୟାରେ ଅନିୟମିତତା ଥିବା ଆଲୋଚନା କରି ପୂର୍ବତନ ମୁଖ୍ୟ ଶାସନ ସଚିବଙ୍କ ବିରୋଧରେ ତଦନ୍ତ ପାଇଁ ସୁପାରିସ କରିଥିଲେ। ଲୋକପାଳଙ୍କ ରିପୋର୍ଟ ଅନୁଯାୟୀ, ସରକାର ଅତ୍ୟନ୍ତ ତ୍ୱରିତ ଗତିରେ ଅନିଲ ଅଗ୍ରୱାଲ ଫାଉଣ୍ଡେଶନର ଅନୁରୋଧକୁ ମାନିନେଇଥିଲେ, ଯାହା ଏକ ସ୍ୱାର୍ଥପର ସମ୍ପର୍କକୁ ଇଙ୍ଗିତ କରୁଥିଲା।

### ଦୁର୍ନୀତିର ଉନ୍ମୋଚନ ଓ ଗଣମାଧ୍ୟମର ଭୂମିକା

ଏହି ଜମି ଅଧିଗ୍ରହଣ ପ୍ରକ୍ରିୟାରେ ସ୍ଥାନୀୟ ଖବରଦାତା ଏବଂ ସାମାଜିକ କର୍ମୀମାନେ ବେଦାନ୍ତ ବିଶ୍ୱବିଦ୍ୟାଳୟ ପ୍ରକଳ୍ପ ନାମରେ ହେଉଥିବା ଦୁର୍ନୀତିକୁ ଉଜାଗର କରିଥିଲେ। ଏହା ସାମ୍ନାକୁ ଆସିଥିଲା ଯେ ଏହି ପ୍ରକଳ୍ପ ପାଇଁ ଅଧିଗ୍ରହଣ କରାଯାଇଥିବା ଜମି ମଧ୍ୟରୁ ଅନେକ ଜମି ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଅମୃତ ମଣୋହି ଜମି ଥିଲା, ଯାହା ଶ୍ରୀଜଗନ୍ନାଥ ମନ୍ଦିର ଆଇନ, ୧୯୫୪ ଅନୁଯାୟୀ ଅବୈଧ ଥିଲା। ଏହା ସହିତ ଅନିଲ ଅଗ୍ରୱାଲ ଫାଉଣ୍ଡେଶନ ଏକ ଘରୋଇ କମ୍ପାନୀ ହୋଇଥିବାରୁ ଏତେ ବଡ଼ ପରିମାଣର ଜମି ଅଧିଗ୍ରହଣ କରିବା ଆଇନଗତ ଭାବେ ଅସମ୍ଭବ ଥିଲା। ଏହି ଦୁର୍ନୀତି ଉନ୍ମୋଚନରେ ଗଣମାଧ୍ୟମ ବିଶେଷକରି ଖବରକାଗଜଗୁଡ଼ିକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ।

### ସ୍ୱର୍ଗତ ବେଣୁଧର ପ୍ରଧାନଙ୍କ ନେତୃତ୍ୱ ଓ ଚାଷୀଙ୍କ ସଂଘର୍ଷ

ଏହି ଆନ୍ଦୋଳନର ସଫଳତା ପଛରେ ସ୍ୱର୍ଗତ ବେଣୁଧର ପ୍ରଧାନଙ୍କ ଅବଦାନ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ସେ ସଂଘର୍ଷ ସମିତିର ସଭାପତି ଭାବେ ୨୨ଟି ମୌଜାର ବାସିନ୍ଦାମାନଙ୍କୁ ଏକାଠିକରି ଏହି ଲଢ଼େଇକୁ ନେତୃତ୍ୱ ଦେଇଥିଲେ। ବେଣୁଧର ଜଣେ ସାଧାରଣ ଚାଷୀ ହୋଇଥିଲେ ମଧ୍ୟ ତାଙ୍କର ଦୃଢ଼ ସଂକଳ୍ପ ଓ ନ୍ୟାୟ ପାଇଁ ଲଢ଼ିବାର ଅଦମ୍ୟ ଇଚ୍ଛା ଏହି ଆନ୍ଦୋଳନକୁ ଏକ ନୂଆ ଦିଗ ଦେଇଥିଲା। ସେ ସ୍ଥାନୀୟ ଚାଷୀଙ୍କୁ ଏକାଠି କରି ସେମାନଙ୍କ ଅଧିକାର ସମ୍ପର୍କରେ ସଚେତନ କରାଇଥିଲେ ଏବଂ ଏହି ଅଧିଗ୍ରହଣ ବିରୋଧରେ ଏକ ସଙ୍ଗଠିତ ଆନ୍ଦୋଳନ ଗଢ଼ି ତୋଳିଥିଲେ। ବେଣୁଧରଙ୍କ ନେତୃତ୍ୱରେ ଚାଷୀମାନେ ବିଭିନ୍ନ ପ୍ରଦର୍ଶନ, ଧାରଣା ଏବଂ ସଭା ଆୟୋଜନ କରିଥିଲେ। ସେମାନେ ସ୍ଥାନୀୟ ପ୍ରଶାସନ ଏବଂ ରାଜ୍ୟ ସରକାରଙ୍କ ନିକଟରେ ନିଜର ଦାବି ଉପସ୍ଥାପନ କରିଥିଲେ। ଆନ୍ଦୋଳନ ଚାଲୁଥିବା ସମୟରେ ଜିଲା ପୋଲିସ ପ୍ରଶାସନ ଓ କମ୍ପାନୀ ତା'ର ଲୋକଙ୍କୁ ଧରି ଏହି ଜମି ଉପରେ ପାଚେରି ନିର୍ମାଣ ପାଇଁ ହିଂସାକାଣ୍ଡ ସୃଷ୍ଟି କରିଥିଲେ। ସରକାରଙ୍କ ଏହି ଷଡ଼ଯନ୍ତ୍ରକୁ ୨୨ଟି ମୌଜାର ଯୁବକ ଓ ମହିଳାମାନେ ମୁକାବିଲା କରି ଏହାକୁ ସଫଳ ହେବାକୁ ଦେଇ ନ ଥିଲେ। ଏହି ଆନ୍ଦୋଳନ କେବଳ ଜମି ରକ୍ଷା ପାଇଁ ନୁହେଁ ବରଂ ଚାଷୀମାନଙ୍କ ଜୀବନ ଜୀବିକା ଏବଂ ସଂସ୍କୃତି ରକ୍ଷା ପାଇଁ ଏକ ଲଢ଼େଇ ଥିଲା।

### ଓକିଲଙ୍କ ଅବଦାନ ଓ ଆଇନଗତ ଲଢ଼େଇ

ଏହି ଆନ୍ଦୋଳନକୁ ଆଇନଗତ ରୂପ ଦେବାରେ ଓକିଲମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ଥିଲା। ଓକିଲମାନେ ବିନା ଫି'ରେ ଏହି ମକଦ୍ଦମା ଲଢ଼ିଥିଲେ, ଯାହା ଏହି ଲଢ଼େଇକୁ ଆହୁରି ସଶକ୍ତ କରିଥିଲା। ସ୍ଥାନୀୟ ଚାଷୀଙ୍କ ସପକ୍ଷରେ ଓକିଲମାନେ ଓଡ଼ିଶା ହାଇକୋର୍ଟରେ ଏହି ଜମି ଅଧିଗ୍ରହଣ ବିରୋଧରେ ମାମଲା ଦାଏର କରିଥିଲେ। ୨୦୧୦ରେ ଓଡ଼ିଶା ହାଇକୋର୍ଟ ଏହି ଅଧିଗ୍ରହଣକୁ ଅବୈଧ ଘୋଷଣା କରିଥିଲେ, କାରଣ ଏହା ଶ୍ରୀଜଗନ୍ନାଥ ମନ୍ଦିର ଆଇନ, ୧୯୫୪ ଏବଂ ଭାରତୀୟ ସମ୍ବିଧାନର ଧାରା ୩୦୦ ଏ' ଅନୁଯାୟୀ ଅନୁମୋଦିତ ନ ଥିଲା। ଏହି ରାୟକୁ ଅନିଲ ଅଗ୍ରୱାଲ ଫାଉଣ୍ଡେଶନ ସୁପ୍ରିମକୋର୍ଟରେ ଚ୍ୟାଲେଞ୍ଜ କରିଥିଲେ। କିନ୍ତୁ ୨୦୨୩ ଏପ୍ରିଲ ୧୨ରେ ସୁପ୍ରିମକୋର୍ଟ ହାଇକୋର୍ଟଙ୍କ ରାୟକୁ ବଳବତ୍ତର କରି ଏହି ଅଧିଗ୍ରହଣକୁ ଅବୈଧ ଘୋଷଣା କରିଥିଲେ। ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ ଯେ ଏହି ଜମି ଚାଷୀମାନଙ୍କୁ ଫେରାଇ ଦିଆଯାଉ ଏବଂ ଅମୃତ ମଣୋହି ଜମି ଶ୍ରୀଜଗନ୍ନାଥ ମନ୍ଦିର ପ୍ରଶାସନକୁ ହସ୍ତାନ୍ତର କରାଯାଉ।

### ଶ୍ରୀମନ୍ଦିର ସେବାୟତ, ରାଜନେତା ଓ ରାଜନୈତିକ ଦଳଙ୍କ ଅବଦାନ

ଏହି ଲଢ଼େଇରେ ଅନେକ ରାଜନେତା, ଶ୍ରୀମନ୍ଦିର ସେବାୟତ ଏବଂ ରାଜନୈତିକ ଦଳଙ୍କ ଅବଦାନ ଗୁରୁତ୍ୱପୂର୍ଣ୍ଣ ଥିଲା। ବିଜେଡି ବ୍ୟତୀତ ଅନ୍ୟସବୁ ଦଳର ନେତାମାନେ ଆନ୍ଦୋଳନ ସ୍ଥଳକୁ ଆସି ସମର୍ଥନ କରିଥିଲେ। ବିଶେଷକରି କଂଗ୍ରେସ ସମ୍ପୂର୍ଣ୍ଣ ସକ୍ରିୟ ଭାବରେ ଏହି ଆନ୍ଦୋଳନକୁ ତୀବ୍ରତର କରିବାରେ ସହଯୋଗ କରିଥିଲା।

### ସରକାରୀ ଅବହେଳା ଓ ଅନୁଷ୍ଠାନର ଅଭାବ

ଯଦିଓ ସୁପ୍ରିମକୋର୍ଟ ୨୦୨୩ ଏପ୍ରିଲ ୧୨ରେ ଏହି ଜମି ଅଧିଗ୍ରହଣକୁ ଅବୈଧ ଘୋଷଣା କରି ଚାଷୀଙ୍କ ପକ୍ଷରେ ରାୟ ଦେଇଥିଲେ, ଦୁଃଖର ବିଷୟ ଯେ ସରକାର ଏହି ରାୟକୁ କାର୍ଯ୍ୟକାରୀ କରିବା ପାଇଁ କୌଣସି ପଦକ୍ଷେପ ନେଇନାହାନ୍ତି। ଏହି ଦୁର୍ନୀତିରେ ଜଡ଼ିତ ଥିବା ଅଧିକାରୀମାନଙ୍କ ବିରୋଧରେ ଯଥା ତତ୍କାଳୀନ ପୁରୀ ଜିଲାପାଳ ଏବଂ ପୂର୍ବତନ ମୁଖ୍ୟ ଶାସନ ସଚିବଙ୍କ ବିରୋଧରେ ଏପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ହୋଇନାହିଁ। ଫଳରେ ସ୍ଥାନୀୟ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି କରିଛି। ଏହି ସଂଘର୍ଷ କେବଳ ଜମି ରକ୍ଷା ପାଇଁ ନୁହେଁ ବରଂ ନ୍ୟାୟ ଓ ସଚ୍ଚୋଟତା ପାଇଁ ଏକ ଐତିହାସିକ ଲଢ଼େଇ ଥିଲା। ଏପ୍ରିଲ ୧୨କୁ କୃଷକଙ୍କ ବିଜୟ ଦିବସ ଭାବେ ଗ୍ରହଣ କରାଯାଇଛି, ଯାହା ଚାଷୀମାନଙ୍କ ଏକତା ଓ ସଂଘର୍ଷର ପ୍ରତୀକ ହୋଇରହିଛି।

**ଉମାବଲ୍ଲଭ ରଥ**
ପୂର୍ବତନ ବିଧାୟକ, ପୁରୀ
ଆବାହକ, ବେଦାନ୍ତ ବିଶ୍ୱବଦ୍ୟାଳୟ ବିରୋଧୀ ସଂଘର୍ଷ ସମିତି, ବେଲଦଳ, ପୁରୀ

ଧରିତ୍ରୀ 51 Years

ଧରିତ୍ରୀ
DHARITRI

ଭୁବନେଶ୍ୱର, ରବିବାର, ଏପ୍ରିଲ ୧୩/୨୦୨୫ | Bhubaneswar, Sunday, April 13/2025 | ପୃଷ୍ଠା-୧



ବାଲେଶ୍ୱର ଜିଲା ଭୋଗରାଇ ବ୍ଲକ ଚନ୍ଦନେଶ୍ୱରଜୀଉଙ୍କ ନୀଳ ଉତ୍ସବ ଅବସରରେ ଶନିବାର ଉପବୀତଧାରୀମାନେ ନୀଳ ପୁଷ୍କରିଣୀରୁ ୨ଟି ଠୁମ୍ବିକାଠକୁ ଜଳକ୍ରୀଡା କରି ଉତ୍ତୋଳନ କରୁଛନ୍ତି। ଏହାକୁ ଦର୍ଶନ କରିବା ଲାଗି ପୋଖରୀ ହୁଡାରେ ଶ୍ରଦ୍ଧାଳୁଙ୍କ ଭିଡ଼ ଜମିଛି।

# ପାରିବାରିକ ହିଂସା | ୨ ମୃତ, ୨ ଗୁରୁତର

ପାରିବାରିକ ହିଂସା ଦିନକୁ ଦିନ ବଢ଼ିବାରେ ଲାଗିଛି। ସମ୍ପତ୍ତି ବିବାଦ, ପାରିବାରିକ କଳହ କିମ୍ବା ସନ୍ଦେହ ଭଳି ଘଟଣାକୁ ନେଇ ବର୍ବରକାଣ୍ଡ ଘଟୁଥିବାବେଳେ ଏହାକୁ ରୋକିହେଉନାହିଁ। ଶନିବାର ରାଜ୍ୟର ବିଭିନ୍ନ ସ୍ଥାନରେ ଏଭଳି କିଛି ଘଟଣା ଘଟିଛି, ଯେଉଁଠି ଅଭିଯୁକ୍ତ ଆଉ କେହି ନୁହଁନ୍ତି, ବରଂ ରକ୍ତର ସମ୍ପର୍କୀ। ବାଲେଶ୍ୱର ସଦର ଥାନା ଅନ୍ତର୍ଗତ ବେଲବାରିଆ ଗ୍ରାମରେ ଚୁଟି କଟା ଷ୍ଟାଇଲକୁ ବିରୋଧ କରିବାରୁ ଜଣେ ନାବାଳକ ତାଙ୍କ ବାପାଙ୍କ ବେକକୁ କଟୁରିରେ ହାଣି ପକାଇଥିବାବେଳେ କେନ୍ଦୁଝର ଜିଲା ତାଲକଇଁସାରି ଗ୍ରାମରେ ଜମିଜମା ବିବାଦକୁ ନେଇ ଜଣେ ଯୁବକ କକାଙ୍କୁ ହତ୍ୟା କରି କଟା ମୁଣ୍ଡ ଧରି ଫାଣ୍ଡିରେ ଆତ୍ମସମର୍ପଣ କରିଛନ୍ତି। ଅନ୍ୟ ଏକ ଘଟଣାରେ ସୁନ୍ଦରଗଡ଼ ଜିଲା ମହୁଲପଦା ଥାନା ଅଞ୍ଚଳରେ ଜଣେ ସାନଭାଇ ତାଙ୍କ ବଡ଼ଭାଇଙ୍କୁ ତୀରମାଡ଼ କରି ହତ୍ୟା କରିବା ପରେ ନିଜେ ଆତ୍ମହତ୍ୟା ଉଦ୍ୟମ କରିଛନ୍ତି। ସେହିପରି କଟକ ଜିଲା ବୈଦେଶ୍ୱର ଥାନା ଅଞ୍ଚଳରେ ପାରିବାରିକ ବିବାଦକୁ ନେଇ ଜଣେ ବ୍ୟକ୍ତି ତାଙ୍କ ସ୍ତ୍ରୀଙ୍କୁ ମାରଣାସ୍ତ୍ରରେ ଆକ୍ରମଣ କରିବାକୁ ଉଦ୍ୟମ କରୁଥିବାବେଳେ କଟୁରି ଚୋଟ ସ୍ତ୍ରୀଙ୍କ କାଖରେ ଥିବା ଶିଶୁକନ୍ୟା ମୁଣ୍ଡରେ ବାଜିଥିଲା। ଶିଶୁକନ୍ୟା ଗୁରୁତର ଅବସ୍ଥାରେ ଚିକିତ୍ସିତ ହେଉଛନ୍ତି।

## ଚୁଟି କଟାକୁ ବିରୋଧରୁ ବାପାଙ୍କୁ ହାଣିଲେ ନାବାଳକ ପୁଅ

ବାଲେଶ୍ୱର,୧୨।୪(ବାଞ୍ଛାନିଧି ଦେ)

ଆଧୁନିକ ଷ୍ଟାଇଲରେ ଚୁଟିକଟାକୁ ବିରୋଧ କରିବାରୁ ବାପାଙ୍କୁ ତେଲେଙ୍ଗା କଟୁରିରେ ଆକ୍ରମଣ କରିଛନ୍ତି ନାବାଳକ ପୁଅ। ଗୁରୁତର ଅବସ୍ଥାରେ ବାପାଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ଏଭଳି ଅଭାବନୀୟ ଘଟଣା ଘଟିଛି ବାଲେଶ୍ୱର ସଦର ଥାନା ଅଧୀନ ବେଲବାରିଆ ଗ୍ରାମରେ। ଏ ସମ୍ପର୍କରେ ଥାନାରେ କୌଣସି ଅଭିଯୋଗ ହୋଇନାହିଁ। ନିକଟରେ ମାଟ୍ରିକ ପରୀକ୍ଷା ଦେଇଥିବା ନାବାଳକ ପୁଅ ଶନିବାର ଚୁଟି କାଟି ଘରକୁ ଫେରିଥିଲେ। ଚୁଟି କଟା ଷ୍ଟାଇଲକୁ ଦେଖି ତାଙ୍କ ବାପା ବିରୋଧ କରିବା ସହ ଗାଳିଗୁଲଜ କରିଥିଲେ। ଏହାକୁ ନେଇ ଉଭୟଙ୍କ ମଧ୍ୟରେ ପାଟିତୁଣ୍ଡ ହୋଇଥିଲା। ଏହାଶୁଣି ନାବାଳକଙ୍କ ମା' ଆସି ଅଟକାଇବାକୁ ଚେଷ୍ଟା କରିଥିଲେ। ମାତ୍ର ହଠାତ୍ ଉତ୍ତ୍ୟକ୍ତ ହୋଇ ବ୍ୟକ୍ତି ଜଣକ ନିଜ ସ୍ତ୍ରୀଙ୍କୁ ଚାପୁଡ଼ାଏ ମାରିଥିଲେ। ଏଥିରେ ନାବାଳକ ପୁଅ ହଠାତ୍ ହିଂସ୍ର ହୋଇଯାଇ ଘରୁ ଏକ ତେଲେଙ୍ଗା କଟୁରି ଆଣି ବାପାଙ୍କୁ ହାଣି ପକାଇଥିଲେ। ଘଟଣାସ୍ଥଳରେ ବ୍ୟକ୍ତି ଜଣକ ଗୁରୁତର ହୋଇପଡ଼ିଥିଲେ। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଗୁରୁତର ଆହତ ଅବସ୍ଥାରେ ଜିଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା କରାଯାଇଥିଲା। ଅବସ୍ଥା ସଙ୍କଟାପନ୍ନ ଥିବାରୁ ତାଙ୍କୁ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି।

## କକାଙ୍କ ମୁଣ୍ଡ କାଟି ହତ୍ୟା

କେନ୍ଦୁଝର,୧୨।୪(ନରେଶ ଚନ୍ଦ୍ର ପଟ୍ଟନାୟକ)

କେନ୍ଦୁଝର ଜିଲା ବାଂଶପାଳ ବ୍ଲକ୍ ତାଲକଇଁସାରି ଗାଁରେ ଶୁକ୍ରବାର ବିଳମ୍ବିତ ରାତିରେ ଏକ ଜଘନ୍ୟ ହତ୍ୟାକାଣ୍ଡ ଘଟିଯାଇଛି। ଜମି ବିବାଦକୁ କେନ୍ଦ୍ରକରି କକାଙ୍କ ଗଣ୍ଡିରୁ ମୁଣ୍ଡ ଅଲଗାକରି ଦେଇଛନ୍ତି ପୁତୁରା। ହତ୍ୟା ପରେ ରକ୍ତ ଜୁଡୁବୁଡୁ ଅବସ୍ଥାରେ କଟାମୁଣ୍ଡକୁ ବ୍ୟାଗ୍‌ରେ ଧରି ଶୁଆକାଟି ଫାଣ୍ଡିରେ ଆତ୍ମସମର୍ପଣ କରିବା ଘଟଣା ଅଞ୍ଚଳରେ ଚାଞ୍ଚଲ୍ୟ ଖେଳାଇଦେଇଛି। ମୃତକ ହେଲେ ଗ୍ରାମର ହରି ଦେହୁରୀ (୫୧)। ପୋଲିସ ଅଭିଯୁକ୍ତ ପୁତୁରା କବି ଦେହୁରୀ (୩୫)ଙ୍କୁ ଗିରଫ କରି ଅଧିକ ତଦନ୍ତ କରୁଛି। ପୋଲିସ ଅନୁଯାୟୀ, ହରି ଏବଂ କବି ଉଭୟେ ☞ପୃଷ୍ଠା-୭

## ଭାଇଙ୍କୁ ତୀର ମାରି ହତ୍ୟା ପରେ ବିଷ ପିଇଲେ ସାନ

ଲହୁଣୀପଡ଼ା,୧୨।୪(ଦାଶରଥି ପଣ୍ଡା)

ସୁନ୍ଦରଗଡ଼ ଜିଲା ମହୁଲପଦା ଥାନା ଅନ୍ତର୍ଗତ ଲୁଙ୍ଗା ଗ୍ରାମରେ ଶନିବାର ସକାଳ ପ୍ରାୟ ୧୦ଟାରେ ସାନଭାଇର ତୀରମାଡ଼ରେ ବଡ଼ଭାଇଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଗମିୟା ମୁଣ୍ଡା(୪୫)। ଏହି ଘଟଣା ପରେ ଭୟରେ ସାନଭାଇ ସନାତନ ମୁଣ୍ଡା (୪୦) ବିଷପିଇ ଆତ୍ମହତ୍ୟା ଉଦ୍ୟମ କରିଛନ୍ତି। ଗୁରୁତର ଅବସ୍ଥାରେ ତାଙ୍କୁ ବଣେଇ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ଏନେଇ ପୋଲିସ ଏକ ହତ୍ୟା ମାମଲା (ନଂ.୨୦/୨୫) ରୁଜୁ କରି ଘଟଣାର ତଦନ୍ତ କରୁଛି। ପୋଲିସ ସୂତ୍ରରୁ ପ୍ରକାଶ ଯେ, ଲୁଙ୍ଗା ଗ୍ରାମର ଗମିୟା ଓ ସାନଭାଇ ସନାତନଙ୍କ ମଧ୍ୟରେ ପୂର୍ବ ଶତ୍ରୁତା ରହି ଆସିଥିଲା। ଶନିବାର ଘରେ କେହି ନ ଥିବାର ସୁଯୋଗ ନେଇ ☞ପୃଷ୍ଠା-୭

## ସ୍ତ୍ରୀଙ୍କୁ କଟୁରିରେ ହାଣିବାବେଳେ ଶିଶୁକନ୍ୟା ଆହତ

ବାଙ୍କୀ, ୧୨।୪ (ଶୁଭେନ୍ଦୁ ମହାପାତ୍ର)

କଟକ ଜିଲା ବୈଦେଶ୍ୱର ଥାନା ଅନ୍ତର୍ଗତ କଳାପଥର ସ୍ୱାସ୍ଥ୍ୟକେନ୍ଦ୍ର ସମ୍ମୁଖରେ ଶନିବାର ଘଟିଛି ଅଭାବନୀୟ ଘଟଣା। ପାରିବାରିକ କଳହରୁ ସ୍ତ୍ରୀଙ୍କୁ ଜେଲରୁ ଫେରିଥିବା ସ୍ୱାମୀ କଟୁରିରେ ହାଣିବାକୁ ଉଦ୍ୟମ କରିଥିଲେ। ହେଲେ କଟୁରି ଚୋଟ ସ୍ତ୍ରୀଙ୍କ ବେକରେ ନ ବାଜି ସେ କାଖରେ ଧରିଥିବା ୩ ବର୍ଷର ଝିଅ ମଣ୍ଡରେ ବାଜିଥିଲା। ଶିଶୁକନ୍ୟାଙ୍କୁ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ଅପରପକ୍ଷରେ ଗିରଫ ଭୟରେ ଅଭିଯୁକ୍ତ ସ୍ୱାମୀ ଫେରାର ଅଛନ୍ତି। ପୋଲିସ ସୂଚନା ମୁତାବକ, ବୈଦେଶ୍ୱର ଥାନା ଅନ୍ତର୍ଗତ ଜଗନ୍ନାଥପୁର ପଞ୍ଚାୟତର ପୁରୁଣାପାଣି ଗ୍ରାମର ବାଙ୍କନିଧି ପଣ୍ଡା ଚଢ଼େଇବନ୍ଧ ☞ପୃଷ୍ଠା-୭




## ଭାରତୀୟ ଫାର୍ମା କମ୍ପାନୀ ଗୋଦାମ ଉପରେ ରୁଷିଆର ମିଶାଇଲ ମାଡ଼

କିଭ୍,୧୨।୪

ୟୁକ୍ରେନ୍‌ରେ ଥିବା ଭାରତୀୟ ଫାର୍ମାସ୍ୟୁଟିକାଲ କମ୍ପାନୀର ଗୋଦାମ ଉପରେ ରୁଷିଆ ମିଶାଇଲ୍ ମାଡ଼ ହୋଇଛି। ଭାରତ ସହ ସ୍ୱତନ୍ତ୍ର ବନ୍ଧୁତ୍ୱ ରଖିଥିବା ମସ୍କୋ ଜାଣିଶୁଣି ୟୁକ୍ରେନ୍‌ରେ ଥିବା କୁସୁମ ନାମକ ଏହି ଭାରତୀୟ ବ୍ୟବସାୟିକ ସଂସ୍ଥାକୁ ଟାର୍ଗେଟ କରିଥିବା ନୂଆଦିଲ୍ଲୀସ୍ଥିତ ୟୁକ୍ରେନ୍ ଦୂତାବାସ ପକ୍ଷରୁ ☞ପୃଷ୍ଠା-୭

## ସୁଟ୍‌କେସ୍‌ରେ ଗର୍ଲଫ୍ରେଣ୍ଡ: ଛାତ୍ରାବାସରେ ଧରାପଡ଼ିଲା

ସୋନିପଥ, ୧୨।୪

ହରିୟାଣା ସୋନିପଥସ୍ଥିତ ଓପି ଜିନ୍ଦଲ ଗ୍ଲୋବାଲ ୟୁନିଭର୍ସିଟିରୁ ଏକ ଆଶ୍ଚର୍ଯ୍ୟକର ଘଟଣା ସାମ୍ନାକୁ ଆସିଛି। ଜଣେ ଛାତ୍ର ନିଜ ପ୍ରେମିକାଙ୍କୁ ପାଖରେ ରଖିବା ପାଇଁ ତାଙ୍କୁ ସୁଟ୍‌କେସ୍‌ରେ ବନ୍ଦ କରି ଛାତ୍ରାବାସକୁ ନେବାକୁ ଚେଷ୍ଟା କରିଥିଲେ। ତେବେ ଛାତ୍ରାବାସରେ ନିୟୋଜିତ ସୁରକ୍ଷା କର୍ମୀ ସୁଟ୍‌କେସ୍ ଯାଞ୍ଚ କରି ଏହା ମଧ୍ୟରେ ଜଣେ ଝିଅ ଥିବାର ଦେଖିବାକୁ ପାଇଥିଲେ। ଛାତ୍ରାବାସରେ ନିୟୋଜିତ ଜଣେ ସୁରକ୍ଷା କର୍ମୀ କହିଛନ୍ତି, ବିଶ୍ୱବିଦ୍ୟାଳୟର ଜଣେ ଛାତ୍ର ନିଜ ସୁଟ୍‌କେସ୍‌ରେ ଜଣେ ଝିଅଙ୍କୁ ରଖି ଛାତ୍ରାବାସ ନେଇ ଯାଉଥିଲେ। ଏହି ସମୟରେ ହଷ୍ଟେଲ ଗେଟ୍ ନିକଟରେ ସୁଟ୍‌କେସ୍‌ଟି କୌଣସି ଜିନିଷରେ ମାଡ଼ ହୋଇଯାଇଥିଲା, ଫଳରେ ସୁଟ୍‌କେସ୍ ଭିତରେ ଥିବା ଝିଅ ଜଣକ ଚିତ୍କାର କରିଥିଲେ। ଚିତ୍କାର ଶୁଣି ଛାତ୍ରାବାସରେ ନିୟୋଜିତ ସୁରକ୍ଷା କର୍ମୀଙ୍କୁ ସନ୍ଦେହ ହୋଇଥିଲା। ଫଳରେ ସେଠାରେ ଉକ୍ତ ସୁଟ୍‌କେସ୍‌ର ଯାଞ୍ଚ କରାଯାଇଥିଲା। ସୁଟ୍‌କେସ୍ ଖୋଲିବା ପରେ ଏହା ମଧ୍ୟରେ ଜଣେ ଛାତ୍ରୀ ବସିରହିଥିବାର



ସୁଟ୍‌କେସ୍‌ରୁ ଯୁବତୀଙ୍କୁ ଉଦ୍ଧାର କରାଯାଉଛି।

ଦେଖିବାକୁ ମିଳିଥିଲା। ଏହା ସେଠାରେ ଉପସ୍ଥିତ ସୁରକ୍ଷା କର୍ମୀ ଓ ଅନ୍ୟ ଛାତ୍ରମାନଙ୍କୁ ଆଶ୍ଚର୍ଯ୍ୟ କରିଥିଲା। ଘଟଣାସ୍ଥଳରେ ଉପସ୍ଥିତ ଛାତ୍ର ଏବଂ ସୁରକ୍ଷା କର୍ମୀମାନେ ଏହି ଦୃଶ୍ୟର ଭିଡିଓ ରେକର୍ଡ କରିଥିଲେ, ଯାହା ଏବେ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି। ସୁଟ୍‌କେସ୍‌ରୁ ବାହାରିଥିବା ଝିଅ ଜଣକ ସୁଟ୍‌କେସ୍ ନେଇ ଯାଉଥିବା ଛାତ୍ରଙ୍କ ଗର୍ଲଫ୍ରେଣ୍ଡ ବୋଲି ବିଭିନ୍ନ ରିପୋର୍ଟ ପ୍ରକାଶ ପାଇଛି। ତେବେ ଉକ୍ତ ଝିଅ ଜଣକ ଓପି ଜିନ୍ଦଲ ଗ୍ଲୋବାଲ ୟୁନିଭର୍ସିଟିର ଛାତ୍ରୀ କି ନୁହଁନ୍ତି, ତାହା ବର୍ତ୍ତମାନ ସୁଦ୍ଧା ସ୍ପଷ୍ଟ ହୋଇନାହିଁ। ଘଟଣାକୁ ନେଇ ☞ପୃଷ୍ଠା-୭

DADLS-11

ସତ୍ୟମେବ ଜୟତେ

ବାର୍ତ୍ତା



୭୭ତମ ରାଜଧାନୀ ପ୍ରତିଷ୍ଠା ଦିବସର ଗୌରବପୂର୍ଣ୍ଣ ଅବସରରେ ମୁଁ ଭୁବନେଶ୍ୱରବାସୀ ତଥା ସମଗ୍ର ରାଜ୍ୟବାସୀଙ୍କୁ ମୋର ହାର୍ଦ୍ଦିକ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଉଛି । ପୁରାତନ ମୂଲ୍ୟବୋଧ ସହିତ ଏକ ଆଧୁନିକ ନଗରୀର ଲକ୍ଷ୍ୟ ରଖିଥିବା ଭୁବନେଶ୍ୱର ନଗରୀ ବର୍ତ୍ତମାନ ପରମ୍ପରା ଓ ଆଧୁନିକତାର ସୌହାର୍ଦ୍ଦ୍ୟପୂର୍ଣ୍ଣ ସମ୍ମିଶ୍ରଣର ଏକ ଜ୍ୱଳନ୍ତ ଦୃଷ୍ଟାନ୍ତ ସାଜିଛି ।

ରାଜଧାନୀ ନଗରୀକୁ ନେଇ ଗର୍ବ ଅନୁଭବ କରିବା ସହିତ ଏହାକୁ ଅଧିକ ସ୍ୱଚ୍ଛ, ସବୁଜ ଓ ପ୍ରାଣବନ୍ତ କରିବା ଯାହା ବିକଶିତ ଓଡ଼ିଶାର ସ୍ୱରୂପକୁ ପ୍ରତିଫଳିତ କରୁଥିବ ସେ ଦିଗରେ ସମସ୍ତେ ଏକନିଷ୍ଠ ଭାବେ କାର୍ଯ୍ୟ କରିବାକୁ ମୁଁ ରାଜଧାନୀବାସୀଙ୍କୁ ଆହ୍ୱାନ ଜଣାଉଛି ।

(ଡ. ହରି ବାବୁ କମ୍ଭମ୍ପାଟି)



୭୭ତମ ରାଜଧାନୀ ପ୍ରତିଷ୍ଠା ଦିବସ ଅବସରରେ ମୁଖ୍ୟମନ୍ତ୍ରୀଙ୍କ ବାର୍ତ୍ତା

୭୭ତମ ରାଜଧାନୀ ପ୍ରତିଷ୍ଠା ଦିବସ ଅବସରରେ ଭୁବନେଶ୍ୱରର ସବୁ ଭାଇ ଓ ଭଉଣୀମାନଙ୍କୁ ମୋର ଶୁଭେଚ୍ଛା ଓ ଅଭିନନ୍ଦନ ।

କ୍ଷେତ୍ରାଧିପତି ତ୍ରିଭୁବନେଶ୍ୱର ଲିଙ୍ଗରାଜ ମହାପ୍ରଭୁଙ୍କ ନାମାନୁସାରେ ନାମିତ ଭୁବନେଶ୍ୱର କେଉଁ ଅନାଦି କାଳରୁ କଳା, ସଂସ୍କୃତି, ସ୍ଥାପତ୍ୟ, ଧର୍ମ, ଶିକ୍ଷା, ସଭ୍ୟତା ଓ ଶାସନର କେନ୍ଦ୍ରସ୍ଥଳୀ ରୂପେ ପରିଗଣିତ ହୋଇଅଛି । ୧୯୪୮ ମସିହା ଏପ୍ରିଲ ୧୩ ତାରିଖରେ ପବିତ୍ର ମହାବିଷୁବ ସଂକ୍ରାନ୍ତି ଅବସରରେ ପ୍ରତିଷ୍ଠା ଲାଭ କରିଥିବା ଭୁବନେଶ୍ୱର ଆଜି ଦେଶର ଏକ ଅଗ୍ରଣୀ ସହର ଭାବରେ ପ୍ରତିଷ୍ଠା ଅର୍ଜନ କରିଛି । ଭୁବନେଶ୍ୱରକୁ ଏକ ସ୍ୱଚ୍ଛ, ସବୁଜ ତଥା ସମୃଦ୍ଧ ସହର ରୂପେ ବିକଶିତ କରିବା ପାଇଁ ଉଦ୍ୟମ ଜାରି ରହିଛି ।

ଆଜିର ଏହି ଶୁଭ ଅବସରରେ ଆସନ୍ତୁ, ଆମ ରାଜଧାନୀ ଭୁବନେଶ୍ୱରକୁ ଦେଶର ଏକ ଶ୍ରେଷ୍ଠ ତଥା ଆଦର୍ଶ ସହର ରୂପେ ଗଢ଼ି ତୋଳିବା ପାଇଁ ସମସ୍ତେ ମିଳିମିଶି ପ୍ରୟାସ କରିବା ।

(ମୋହନ ଚରଣ ମାଝୀ)
ମୁଖ୍ୟମନ୍ତ୍ରୀ, ଓଡ଼ିଶା

ସତ୍ୟମେବ ଜୟତେ



ରାଜଧାନୀ ପ୍ରତିଷ୍ଠା ଦିବସ ଅବସରରେ ମାନ୍ୟବର ବାଚସ୍ପତିଙ୍କ ବାର୍ତ୍ତା

ରାଜଧାନୀ ପ୍ରତିଷ୍ଠା ଦିବସ ଅବସରରେ ଭୁବନେଶ୍ୱରବାସୀ ଭାଇଭଉଣୀମାନଙ୍କୁ ମୋର ହାର୍ଦ୍ଦିକ ଶୁଭେଚ୍ଛା ଓ ଅଭିନନ୍ଦନ ।

ଓଡ଼ିଶାର ସାମାଜିକ, ସାଂସ୍କୃତିକ ଓ ଆଧ୍ୟାତ୍ମିକ ପ୍ରାଣକେନ୍ଦ୍ର ମନ୍ଦିରମାଳିନୀ ସହର ଭୁବନେଶ୍ୱର ପ୍ରତ୍ୟେକ ଓଡ଼ିଆଙ୍କ ପାଇଁ ଗର୍ବ ଓ ଗୌରବ । ଆମ ରାଜଧାନୀ ଭୁବନେଶ୍ୱରକୁ ଦେଶର ଏକ ସ୍ୱଚ୍ଛ, ଆକର୍ଷଣୀୟ ଓ ପ୍ରଗତିଶୀଳ ସହରରେ ପରିଣତ କରିବା ପାଇଁ ସମସ୍ତ ରାଜ୍ୟବାସୀ ସଂକଳ୍ପବଦ୍ଧ ହୋଇ ସମ୍ମିଳିତ ପ୍ରୟାସ ଜାରି ରଖିବେ ବୋଲି ମୋର ବିଶ୍ୱାସ ।

(ସୁରମା ପାଢ଼ୀ)
ମାନ୍ୟବର ବାଚସ୍ପତି, ଓଡ଼ିଶା

OIPR-15001/13/0502/2526

ବିଶ୍ୱାସ କର ଯେ, ସବୁ ମିଥ୍ୟା ହେଉଛି ହୁଏତ ଗଠନମୁଖୀ ଏକ ସତ୍ୟ । କିମ୍ବା ଭାଙ୍ଗି ଭାଙ୍ଗି ଯାଉଥିବା ଏକ ସତ୍ୟ । ସବୁ ବିଫଳତା ହେଉଛି ଏକ ଲୁକ୍କାୟିତ ସଫଳତା । ସବୁ ଦୁର୍ବଳତା ହେଉଛି- ପ୍ରକୃତିରେ ନିଜକୁ ଦେଖାଯାଉ ନ ଥିବା ଏକ ସବଳତା ଏବଂ ସବୁ ଯନ୍ତ୍ରଣା ହେଉଛି ଏକ ଗୁପ୍ତ ଓ ଭୟଙ୍କର ଅଧୀର ଆନନ୍ଦର ଉନ୍ମତ୍ତତା । -ଶ୍ରୀଅରବିନ୍ଦ



# ଚାଇନାର ପ୍ରତିରୋଧ



**ଆକାର ପଟେଲ**

ଡୋନାଲ୍ଡ ଟ୍ରମ୍ପଙ୍କ ଅନୁଯାୟୀ ସାରା ବିଶ୍ୱର ବାଣିଜ୍ୟ ମନ୍ତ୍ରଣାଳୟଗୁଡ଼ିକ ଆମେରିକାକୁ ସେମାନଙ୍କ ମାମଲା ସମ୍ପର୍କରେ ବିଚାର ପାଇଁ ନିବେଦନ କରିବାକୁ ଲାଇନ ଲଗାଉଛନ୍ତି । ଆମେ ସେମାନଙ୍କ ସହ ଅଛୁ କି ? ନା, ଆମେ ନାହୁଁ । ସପ୍ତାହାନ୍ତରେ ପ୍ରକାଶିତ ଏକ ଖବରରେ ବାଣିଜ୍ୟ ମନ୍ତ୍ରୀ ପୀୟୂଷ ଗୋୟଲ କହିଥିଲେ, ଆମେ ଧମକ ସହ ବୁଝାମଣା କରୁନାହୁଁ । ଦେଖିବାକୁ ଗଲେ ଏହା ହିଁ ଉତ୍ତମ ତରିକା ଏବଂ ଏହା ସହ ମୁଁ ଏକମତ । ସାର୍ବଭୌମ ଦେଶଗୁଡ଼ିକ ଦୃଢ଼ତାର ସହ କହିବା ଦରକାର ଯେ, ସେମାନଙ୍କୁ ସମାନ ଭାବେ ଦେଖିବା ଆବଶ୍ୟକ, ଅଧସ୍ତନ ବା ଦାସ ରୂପେ ନୁହେଁ । ଟ୍ରମ୍ପଙ୍କ ଟାରିଫ୍‌କୁ କାନାଡା ଭଳି ଚାଇନା ମଧ୍ୟ ଦୃଢ଼ତାର ସହ ପ୍ରତିରୋଧ କରିଛି । ତେବେ ଗୋୟଲ ଯାହା କହିଥିଲେ ତାହା ତାଙ୍କୁ ସମସ୍ୟାରେ ପକାଇଲା । ସେ କହିଥିଲେ, ଭାରତର ନୂଆ ବିଜ୍‌ନେସ୍‌ସବୁ ନୂତନତ୍ୱ ବଦଳରେ କେବଳ ବାଣିଜ୍ୟ (ଦୋକାନଦାରି ଶବ୍ଦ ବ୍ୟବହାର କରିଥିଲେ) ଉପରେ ଗୁରୁତ୍ୱ ଦେଉଛନ୍ତି । ସେ ଏହାକୁ ଚାଇନା ସହ ତୁଳନା କରିଥିଲେ, ଯେଉଁଠି ଷ୍ଟାର୍ଟଅପ୍‌ଗୁଡ଼ିକ ରୋବୋ, କୃତ୍ରିମ ବୁଦ୍ଧିମତ୍ତା ନିର୍ମାଣ କରିବା ସହ ଅତ୍ୟାଧୁନିକ ସାମଗ୍ରୀ ଉତ୍ପାଦନ କରୁଛନ୍ତି । ଏହାକୁ ନେଇ ଏଣ୍ଟ୍ରେପ୍ରିନ୍ୟୁୟରମାନେ ଗୋୟଲଙ୍କୁ ବିରୋଧ କରିଥିଲେ । ତେବେ ଭାରତରେ ନୂଆକରି ଗଢ଼ିଉଠିଥିବା ଅନେକ କମ୍ପାନୀ ଏଭଳି କିଛି କାମ କରୁଛନ୍ତି ଏବଂ ସେମାନେ ଏହା କରିବା ଉଚିତ ବୋଲି ଗୋୟଲ କହିଥିଲେ ।

ଭାରତରେ ବିଜ୍‌ନେସ୍‌ର ଇତିହାସକୁ ଦେଖିଲେ ଜଣାଯାଏ ଯେ, ବିଂଶ ଶତାବ୍ଦୀ ପର୍ଯ୍ୟନ୍ତ ବାଣିଜ୍ୟିକ ସମୁଦାୟ ମୁଖ୍ୟତଃ ବଣିକ ଓ ବ୍ୟାଙ୍କର ଥିଲେ । ୧୯୧୯ରେ ମାନୁଫାକ୍‌ଚରିଂ କ୍ଷେତ୍ରରେ ବିର୍ଲାଗୋଷ୍ଠୀ ପ୍ରବେଶ କଲା ଏବଂ ଏହା ପୂର୍ବରୁ ପାର୍ସୀଙ୍କ ସମେତ ଅଳ୍ପ କେତେଜଣ ଗୁଜରାଟୀଙ୍କ ଉଦ୍ୟମରେ ୧୯୧୦ରେ ଟାଟା ଷ୍ଟିଲ୍ ଆସିଥିଲା । ଆମ ବାଣିଜ୍ୟ ଏହିଭଳି ଇତିହାସ ସହ ଜଡ଼ିତ ରହୁଛି ଏବଂ ଉତ୍ପାଦିତ ସାମଗ୍ରୀ ଓ ତାହାକୁ ଡେଲିଭରି ଆପ୍ ଭଳି ବିଷୟ ପର୍ଯ୍ୟନ୍ତ ବିସ୍ତାର କରାଯାଉ ନ ଥିବା ସମ୍ଭବତଃ ଗୋୟଲ ସୂଚିତ କରିଥିଲେ । ତେବେ ପୁନର୍ବାର ତାଙ୍କର ଏହି ବ୍ୟାପକ ଦୃଷ୍ଟିକୋଣ ସହ ମୁଁ ଏକମତ । ପ୍ରଶ୍ନ ହେଉଛି, ଚାଇନାର ଷ୍ଟାର୍ଟଅପ୍ ଭଳି ହେବା ପାଇଁ ଭାରତୀୟ ଷ୍ଟାର୍ଟଅପ୍‌ଗୁଡ଼ିକର ବିକାଶ ଓ ସଫଳତା ସକାଶେ କେଉଁସବୁ ବିଷୟ ଜରୁରୀ ? ବିଜ୍‌ନେସ୍ ସେକ୍ଟରକୁ ଏହି ପ୍ରଶ୍ନ ପଚାରିବା ଠିକ୍ ହେବ । ସମାନ ଭାବେ ସରକାରଙ୍କୁ ମଧ୍ୟ ଏହା ପଚାରିବା ଉଚିତ । ଚାଇନା ଏବେ ଯେଉଁଠି ପହଞ୍ଚିଛି ତାହା ଗତବର୍ଷରଏକ ଅନୁଧ୍ୟାନରୁ ସାମ୍ନାକୁ ଆସିଥିଲା । ଏହା ଦର୍ଶାଇଥିଲା, ''ଚାଇନା ଏବେ ବିଶ୍ୱର ଏକ ମାତ୍ର ମାନୁଫାକ୍‌ଚରିଂ ସୁପରପାୱାର । ଚାଇନାର ଉତ୍ପାଦନ ତା' ପଛକୁ ଥିବା ୯ଟି ଉତ୍ପାଦନକାରୀ ଦେଶର ମୋଟ ଉତ୍ପାଦନଠାରୁ ଅଧିକ ।'' ଚାଇନା ସରକାର ଶିଳ୍ପ ନୀତି ଓ କୌଶଳଗତ ପରିଚାଳନା ମାଧ୍ୟମରେ ଏସବୁ ହାସଲ କରିପାରିଲା । ଏହା ଆଫ୍ରିକା ଓ ଲାଟିନ ଆମେରିକାର ଖଣିଜ ସମୃଦ୍ଧ ଦେଶଗୁଡ଼ିକ ସହ ସମ୍ପର୍କ ସ୍ଥାପନ କଲା ଏବଂ ଏହିସବୁ ଦେଶଗୁଡ଼ିକରୁ ଅନେକରେ ବନ୍ଦର ଓ ରେଳପଥ ନିର୍ମାଣ କଲା । ସରକାରଙ୍କ ଅଧୀନରେ ଥିବା ତାହାର କମ୍ପାନୀଗୁଡ଼ିକ ଅନ୍ୟ କାହା ଉପରେ ନିର୍ଭର ନ କରି ବ୍ୟବସାୟଭିତ୍ତିକ ପାଣିଜାହାଜ ଓ ଉଡ଼ାଜାହାଜ ନିର୍ମାଣ କଲେ । ଚାଇନା ସହ ଯୁଦ୍ଧ କରିଥିବା କିମ୍ବା ଏବେ ବିବାଦରେ ଲିପ୍ତ ଥିବା ପଡ଼ୋଶୀ ଦେଶଗୁଡ଼ିକୁ ବୁଝାଇବାକୁ ସକ୍ଷମ ହେଲା ଯେ, ଏହିସବୁ ସମସ୍ୟାକୁ ବାଣିଜ୍ୟ ସହ ଯୋଡ଼ିବା ଠିକ୍ ନୁହେଁ । ଚାଇନାର ସବୁଠୁ ବଡ଼ ବାଣିଜ୍ୟିକ ଭାଗୀଦାରି ଆମେରିକା କିମ୍ବା ୟୁରୋପୀୟ ସଂଘ ନୁହନ୍ତି ବରଂ ଦକ୍ଷିଣ ପୂର୍ବ ଏସୀୟ ରାଷ୍ଟ୍ର ସଂଘ( ଏସିଆନ) । ନର୍ଥ ଆଟ୍‌ଲାଣ୍ଟିକ ଟ୍ରିଟି ଅର୍ଗାନାଇଜେଶନ (ନାଟୋ) ଏବଂ ଆକୁସ୍ ଓ କ୍ୱାଡ୍ ଭଳି ଆମେରିକାର ସାମରିକ ମେଣ୍ଟଗୁଡ଼ିକ ବିରୋଧରେ ଚାଇନା ବେଲ୍ଟ ଆଣ୍ଡ ରୋଡ୍ ଇନିସିଏଟିଭ(ବିଆର୍‌ଆଇ) ଅର୍ଥାତ୍ ରେଳପଥ, ସଡ଼କ ପଥ, ବନ୍ଦର ଆଦି ଭିତ୍ତିଭୂମି ବିକାଶ ରଣନୀତି ଆପଣାଇଛି ।

ଦେଖିବାକୁ ଗଲେ ଅନେକ ଦଶନ୍ଧିଧରି ସମଗ୍ର ବିଶ୍ୱ ଜଳବାୟୁ ପରିବର୍ତ୍ତନକୁ ନେଇ ଚିନ୍ତାପ୍ରକଟ କରିଆସୁଛି, କିନ୍ତୁ କେବଳ ଚାଇନା ଏଭଳି ସମସ୍ୟାକୁ ନିୟନ୍ତ୍ରଣ କରିବା ସହ ସେଥିରୁ ଲାଭ ଉଠାଇବା ପାଇଁ ଏକ ଭିନ୍ନ ଶିଳ୍ପ ରଣନୀତି ଗଢ଼ିଛି । ଅନ୍ତର୍ଜାତୀୟ କମ୍ବଶନ ଇଞ୍ଜିନ କ୍ଷେତ୍ରରେ ଜାପାନ ଏବଂ ଜର୍ମାନୀ କମ୍ପାନୀଗୁଡ଼ିକର ପ୍ୟାଣ୍ଟେଣ୍ଟ ଓ ଅଭିଜ୍ଞତା ସହ ତାହାର ଅଟୋମୋବାଇଲ ସେକ୍ଟର ପ୍ରତିଦ୍ୱନ୍ଦ୍ୱିତା କରିପାରିବ ନାହିଁ ବୋଲି ଚୂଡ଼ାନ୍ତ ନିଷ୍ପତ୍ତି ନେଇ ଚାଇନା ବୈଦ୍ୟୁତିକ କାର୍ ଉପରେ ଧ୍ୟାନ ଦେଲା । ଚାଇନା ୨୦୧୬ରେ ୫ ଲକ୍ଷ, ୨୦୧୮ରେ ୧୦ ଲକ୍ଷ ଏବଂ ଗତ ବର୍ଷ ୧ କୋଟି ନ୍ୟୁ ଏନର୍ଜି ଚାଳିତ କାର୍ ଉତ୍ପାଦନ କରିଥିଲା । ଗତବର୍ଷ ଚାଇନା ୫୮ ଲକ୍ଷ କାର୍ ରପ୍ତାନି କରିଥିଲା । ସୋଲାର ପ୍ୟାନେଲ କ୍ଷେତ୍ରରେ ସମାନ କଥା ଦେଖିବାକୁ ମିଳିଛି । ବର୍ତ୍ତମାନ ବିଶ୍ୱରେ ବ୍ୟବହାର ହେଉଥିବା ମୋଟ ସୋଲାର ସେଲ୍‌ର ୮୦ ପ୍ରତିଶତରୁ ଅଧିକ ଚାଇନା ଉତ୍ପାଦନ କରିବା ସହ ପୃଥିବୀର ଦୁଇ ତୃତୀୟାଂଶ ବୈଦ୍ୟୁତିକ ଯାନର ବ୍ୟାଟେରି ମଧ୍ୟ ନିର୍ମାଣ କରୁଛି । ମାଇନିଂଠାରୁ ଆରମ୍ଭ କରି ରିଫାଇନିଂ, ମାନୁଫାକ୍‌ଚରିଂ ପର୍ଯ୍ୟନ୍ତ ଯୋଗାଣ ଶୃଙ୍ଖଳ ଚାଇନା ଦ୍ୱାରା ଚାଲୁଛି । ସମସ୍ତ କ୍ଷେତ୍ରରେ ବିଶେଷକରି ଭବିଷ୍ୟତରେ ଯେଉଁସବୁ କ୍ଷେତ୍ରର ଗୁରୁତ୍ୱ ରହିବ ସେଗୁଡ଼ିକରେ ଚାଇନାର ଏକଚାଟିଆ ପ୍ରାଧାନ୍ୟ ରହିଛି । ଏହା ସତ୍ୟ ଯେ, ଚାଇନାର ଏଣ୍ଟ୍ରେପ୍ରିନ୍ୟୁୟରମାନେ ଉଲ୍ଲେଖନୀୟ କାର୍ଯ୍ୟ କରିଛନ୍ତି, ଯାହା ଆମେ ନିକଟରେ ଡିପ୍‌ସିକ୍ ଏଆଇ କ୍ଷେତ୍ରରେ ଦେଖିଛୁ । ଆମେରିକାର ପ୍ରାଧାନ୍ୟ ଥିବା କ୍ଷେତ୍ର ଯଥା ସୋସିଆଲ ମିଡିଆ(ସାମାଜିକ ଗଣମାଧ୍ୟମ)ରେ ମଧ୍ୟ ଚାଇନାର ଏଣ୍ଟ୍ରେପ୍ରିନ୍ୟୁୟରମାନଙ୍କର ସଫଳତା ଦେଖିବାକୁ ମିଳିଛି । ଚାଇନା ସରକାରଙ୍କ ରଣନୀତି ଓ ଶିଳ୍ପ ନୀତି ଯୋଗୁ ଏଭଳି ବିଜୟ ସମ୍ଭବ ହୋଇଛି । ଚାଇନର ଏଣ୍ଟ୍ରେପ୍ରିନ୍ୟୁୟରମାନେ ସଫଳତା ହାସଲ କରିବାର କାରଣ ପଛରେ ରହିଛି ଉଦାରୀକରଣରେ ହସ୍ତକ୍ଷେପ । ଆମେରିକାର ପଦକ୍ଷେପକୁ ମୁକାବିଲା କରିବା ପାଇଁ ଚାଇନାର ବିଶ୍ୱାସ ଅଛି । ଚାଇନା ମଧ୍ୟ ଭଲ ଭାବେ ବୁଝିଛି ଯେ, ଏବେ ଆମେରିକାକୁ ଶାସନ କରୁଥିବା ବ୍ୟକ୍ତିଙ୍କ ବିଚ୍ଛିନ୍ନତାବାଦୀ କଳ୍ପନା ଯାହା ହେଉନା କାହିଁକି ବିଶ୍ୱ ତା' (ଚାଇନା) ଉପରେ ନିର୍ଭର କରିବ ।

Email:aakar.patel@gmail.com

# ଲୁହା ଓ କଳଙ୍କି



**ରଞ୍ଜନ କୁମାର ଦାସ**

ଲୁହା ଏକ ଶକ୍ତିଶାଳୀ ପଦାର୍ଥ । ଏଥିରେ ନାନାଦି ଅସ୍ତ୍ରଶସ୍ତ୍ର ଏବଂ ଯନ୍ତ୍ରାଦି ତିଆରି ହୁଏ । ସେଥିରେ ବି ଗଛ ହାଣିହୁଏ, ମଣିଷ ମାରିହୁଏ, ସେଇ ଲୁହାରେ ବଡ଼ ବଡ଼ କଳକାରଖାନା, କୋଠାବାଡ଼ି ଓ ଗାଡ଼ିମୋଟର ତିଆରି ହୁଏ । ଲୁହା କେବଳ ନିଜେ ଶକ୍ତିଶାଳୀ ନୁହେଁ, ତାକୁ ଧରିଥିବା ବ୍ୟକ୍ତି ମଧ୍ୟ ଶକ୍ତିଶାଳୀ ହୋଇଯାଏ । ଏମିତି କୌଣସି ଅଧିକ ଶକ୍ତିଶାଳୀ ପଦାର୍ଥ ନାହିଁ, ଯାହା ଲୁହାକୁ ସହଜେ ଭାଙ୍ଗି ବା କାଟିପାରିବ । ସେକଥା କେବଳ ଅନ୍ୟ ଏକ ଧାରୁଆ ଲୁହାରେ ସମ୍ଭବ । ତା'ଛଡ଼ା ଲୁହା ଯେବେ ନିଜେ କଳଙ୍କି ଲାଗି ଦୁର୍ବଳ ହେଇଯାଏ, ସେ ଆପେ ଆପେ କ୍ଷୟ ହୋଇଯାଏ । ଏ କଳଙ୍କି କ'ଣ ଏକ ବାହାର ଜିନିଷ ? ସିଏ ବାହାର ପାଣି ପବନ ବାଜି ସେଇ ଲୁହାରୁ ହିଁ ତିଆରି ହୁଏ ଓ ତାକୁ ନଷ୍ଟ କରେ । ତେଣୁ ଏକଥା କହିବା ଅପ୍ରାସଙ୍ଗିକ ହେବନାହିଁ ଯେ, ଲୁହା ଭଳି ଏକ ଶକ୍ତିଶାଳୀ ଜିନିଷ ଖରାପ ସଂସର୍ଗ ଓ ନିଜ ଗୁଣରୁ ହିଁ ନଷ୍ଟ ହୋଇଯାଏ । ନ ହେଲେ ଅନ୍ୟ କେହି ତାକୁ ଏତେ ସହଜରେ ନଷ୍ଟ କରିପାରନ୍ତା ନାହିଁ ।

ଲୁହା ଭଳି ପ୍ରତ୍ୟେକ ଜିନିଷ, ପ୍ରତ୍ୟେକ ମଣିଷ, ପ୍ରତ୍ୟେକ ଜାତି ଓ ଧର୍ମ, ପ୍ରତ୍ୟେକ ଭାଷା ସଂସର୍ଗଗତ ଦୋଷରୁ ଓ ନିଜ ଗୁଣଧର୍ମରୁ ହିଁ ନିଜେ ନଷ୍ଟ ହୁଏ । ଅନ୍ୟ ବାହ୍ୟ ଶତ୍ରୁ ଅପେକ୍ଷା ଏମାନେ ନିଜ ନିଜ ଦୋଷରୁ ହିଁ ବେଶି ନଷ୍ଟ ହୋଇଥା'ନ୍ତି ! ଜିନିଷ ଭିତରେ ଦେଖିବେ କାଠ, ବାଉଁଶ ଯେତେବେଳେ ପାଣି ପବନ ସଂସର୍ଗରେ ଆସେ ନାଶ ଯାଏ । ମଣିଷର ସେମିତି ଯେତେ ଧନସମ୍ପଦ ଥାଉନା କାହିଁକି ନିଜ ଗର୍ବ, ଅହଂକାର, ଔଦ୍ଧତ୍ୟ ଓ ଚାରିତ୍ରିକ ଦୋଷରୁ ସେ ନଷ୍ଟ ହୁଏ । ବହୁ ବଡ଼ ବଡ଼ ଲୋକ ଗୋଟିଏ ଗୋଟିଏ ଛୋଟ ଦୋଷ ଯୋଗୁ ଲୋକଲୋଚନରେ ନିନ୍ଦିତ ହୋଇ ଜନମାନସରୁ ବିଦା ହୋଇଛନ୍ତି । ଯେଉଁ ସମାଜ ତାଙ୍କୁ ପୂଜା କରୁଥାଏ, ସେଇ ସମାଜ ତାଙ୍କ ଦୋଷଗୁଣ ଯୋଗୁ ଗୋଇଠା ମାରି ଦୂରଦୂର କରେ । ଆପଣ ଦେଖିବେ ଭାଷା ସେମିତି । ଗୋଟିଏ ଭାଷା ଯେତେବେଳେ ନିଜ ଐତିହ୍ୟ ଓ ପରମ୍ପରାକୁ ଭୁଲି ଅନ୍ୟ ଭାଷା ଉପରେ ଅତିରିକ୍ତ ନିର୍ଭର କରେ, ସେ ଭାଷା ମଧ୍ୟ କ୍ରମେ ଲୁପ୍ତପ୍ରାୟ ହୁଏ ।

ଗୋଟିଏ ଭାଷାର ସବୁଠୁ ବଡ଼ ଶତ୍ରୁ ସେମିତି ଅନ୍ୟ ଭାଷା ବା ଅନ୍ୟ ଭାଷାଭାଷୀ ଲୋକ ଯେତେ ନୁହନ୍ତି ; ସେତେ ଦୋଷୀ ହେଲେ ସେଇ ଭାଷାରେ ଜନ୍ମିତ ଲୋକ । ଗୋଟିଏ ଭାଷାର ସବୁଠୁ ବେଶି ପଢ଼ାଲେଖା କରିଥିବା ଲୋକମାନେ ଅନ୍ୟଭାଷା ବେଶି ବ୍ୟବହାର କରିଥା'ନ୍ତି । କାରଣ ସେମାନେ ଅନ୍ୟ ଭାଷା ଜାଣିଥା'ନ୍ତି ଓ ନିଜ ପାଣ୍ଡିତ୍ୟ ପ୍ରଦର୍ଶନ କରିବାକୁ ମାତୃଭାଷାକୁ ଅବହେଳା କରି ଅନେକାଂଶରେ ଅନ୍ୟଭାଷାର ବ୍ୟବହାର କରିବାକୁ ପସନ୍ଦ କରିଥାନ୍ତି । କିନ୍ତୁ ସେଇ ଭାଷାର ସବୁଠୁ ଗରିବ ଓ ମୂର୍ଖ ଲୋକଟି ଅନ୍ୟ ଭାଷାକୁ ଏତେ ବେଶୀ ଜାଣିନଥିବାରୁ, ନିଜ ମାତୃଭାଷାକୁ ସର୍ବତ୍ର ବ୍ୟବହାର କରିଥାଏ ଓ ତାକୁ ବଞ୍ଚେଇ ରଖିଥାଏ । ତେଣୁ ନବ୍ୟ ଶିକ୍ଷିତମାନେ ନିଜ ଭାଷାର ବିକାଶ କରିବା ବଦଳରେ ତା'ର ବିନାଶରେ ବେଶି ସହାୟକ ହୋଇଥା'ନ୍ତି ।



ଧର୍ମ ଓ ସଂସ୍କୃତି କ୍ଷେତ୍ରରେ ମଧ୍ୟ ଅନୁଚାପ ଅବସ୍ଥା । ଆଧୁନିକ ପରିବାରରେ ଏବେ ପୂଜାପାଠ ଓ ପ୍ରାର୍ଥନା ପ୍ରାୟତଃ କମିଗଲାଣି । ଆପାର୍ଟମେଣ୍ଟ ବା ଡ୍ୟୁପ୍ଲେକ୍ସ ଘରେ ରହୁଥିବା ଲୋକ ଗୋଟେ ପୂଜାଘର ପାଇଁ ଜାଗା ଛାଡ଼ି ପାରୁନାହାନ୍ତି । ସେମାନେ ଭାବୁଛନ୍ତି, ସେତିକି ଜାଗାରେ ଅନ୍ୟ କ'ଣଟେ ହେଇପାରିବ । ଠାକୁରଘର କ'ଣ ଦରକାର ? ଆମ ପିଲାବେଳେ ଆମକୁ ସକାଳ ସନ୍ଧ୍ୟାରେ ଘରେ ପଢ଼ିବାକୁ ଗଲାବେଳେ ପ୍ରାର୍ଥନା ଗାଇବାକୁ ପଡୁଥିଲା । ଏବେ ମା'ବାପା, ଛୁଆ ସେ ଦିଗରେ କେହି ଆଗ୍ରହୀ ନୁହନ୍ତି । ନବ୍ୟ ଆଧୁନିକତା ନାମରେ ସେସବୁକୁ ପୁରୁଣାକାଳିଆ କୁହାଯାଉଛି । ସେମାନେ ଭାବନ୍ତି ଭକ୍ତି ଠାକୁରଘରେ ନ ଥାଏ, ହୃଦୟରେ ଥାଏ । ହଁ, ଯଦି ସେତକ ବି ଥାଆନ୍ତା ତାହାଲେ ବି ଚିନ୍ତା ଥିଲା । ହୃଦୟରେ କି ମସ୍ତିଷ୍କରେ କୋଉଠି ଭକ୍ତିଭାବ କି ଆଧାତ୍ମିକ ଚିନ୍ତନ ପାଇଁ ଜାଗା ନାହିଁ । ଖାଲି ପରୀକ୍ଷାରେ ଭଲ ମାର୍କ ଦିଅ, ଇଣ୍ଟରଭ୍ୟୁରେ ଚାକିରିଟା ମୋର ହେଉ, ମାଲପତ୍ରରେ ମୋ ଘର ଭରିଯାଉ ଯେ ଆମ ଭକ୍ତିଭାବ ସୀମିତ । ଥରେ ଦି'ଥର ଓଡ଼ିଶା ବାହାରୁ ବୁଲି ପଳେଇ ଆସିଲେ, ପାଠ ଦି'ଅକ୍ଷର ପଢ଼ିଦେଲେ ଲୋକେ ଭାବୁଛନ୍ତି ଆମେ ଆଧୁନିକ ହୋଇଗଲୁ । ଆମ ଦ୍ୱାରା ଧୋତିପିନ୍ଧା ହବନି, ପୂଜାପାଠ ସମ୍ଭବ ନୁହେଁ । ଝିଅମାନେ ଭାବୁଛନ୍ତି ଚୁଡ଼ି ପିନ୍ଧିବା, ଶାଢ଼ି ପିନ୍ଧିବା, ସିନ୍ଦୂର ପିନ୍ଧିବା, ଗାଉଁଲି ଲୋକଙ୍କ ଲକ୍ଷଣ । ଆମ ସଭ୍ୟତାରେ ଏ ଛଦ୍ମ ଆଧୁନିକତା ଏତେ ବ୍ୟାପିଗଲାଣି ଯେ, ଆମ ଛୁଆଏ ପିଠାକୁ ଭୁଲି ପିଜାକୁ ଆପଣେଇଲେଣି । କଣ୍ଟିନେଣ୍ଟାଲ ଚାଇନିଜ୍ ଫୁଡ୍, ଥାଇଫୁଡ୍ ଯିଏ ନ ଖାଇଛି, ସିଏ ମଫସଲିଆ ବୋଲି ଲୋକେ ଭାବୁଛନ୍ତି । ଆମ ଖେଚୁଡ଼ି କୁଆଡ଼େ ଗଲା, ବିରିଆନୀ ଆସିଗଲା । ବରା ସିଙ୍ଗଡ଼ା କୁଆଡ଼େ ଗଲା, ଇଡିଲି ଦୋଷା ତା' ସ୍ଥାନ ନେଇଗଲା । ପାଖଘର ମାଉସୀ ଆମକୁ ମା'ଠୁ ମଡର୍ନ ଲାଗୁଛନ୍ତି । ବଡ଼ମାନଙ୍କୁ ନମସ୍କାର କରିବାକୁ ବା ଗୁରୁଜନଙ୍କ ପାଦ ଛୁଇଁ ମୁଣ୍ଡିଆ ମାରିବାକୁ ଆଜିକାର ପିଲାଏ ଘୃଣା କରୁଛନ୍ତି । କାରଣ ଆମ ମୁରବିମାନେ ତାଙ୍କୁ ସେଇଭଳି ଶିକ୍ଷା ଦେଉଛନ୍ତି ।

ଆମ ସମାଜର ମୁରବିମାନେ ସେଥିରେ ଚିନ୍ତିତ ନୁହନ୍ତି । ପୁଅ ରାତିଅଧରେ ଘରକୁ ମଦ ପିଇ ଆସିଲେ ମଧ୍ୟ ମା'ବାପା କହୁଛନ୍ତି ଆଜିକାଲି ସମାଜରେ ଏଇଟା ଚଳିଲାଣି ଆଉ ଆମେ ପୁରୁଣାକାଳିଆ ମନୋବୃତ୍ତି ନେଇ ତାକୁ ବିରୋଧ କଲେ କ'ଣ ହବ ? ନବ୍ୟ ସଭ୍ୟ ସମାଜରେ ପାର୍ଟି ଫଙ୍କ୍‌ସନ ଗଲେ ପିଇବାକୁ ପଡ଼ିବ, ତେଣୁ ଏଥିରେ ଦୋଷ କୋଉଠି ରହିଲା ? ପୁଅ ତା' ସ୍ତ୍ରୀକୁ ଛାଡ଼ି ଅନ୍ୟ ଝିଅଙ୍କ ସାଙ୍ଗରେ ବୁଲିଲେ ବି ଏପରି ଅଭିଭାବକ ଅଛନ୍ତି, କହୁଛନ୍ତି ଏଥିରେ ଖରାପ କ'ଣ ରହିଲା ? ଚାକିରି ବାକିରି କଲେ ଏମିତି ଫ୍ରେଣ୍ଡଶିପ ହୁଏ । ମାତ୍ର ଏ ଉଦାରତା ଛାଡ଼ିଯାଏ, ଯେତେବେଳେ ପୁଅ ଗୋଟାଏ ସ୍ତ୍ରୀ ଥାଉଥାଉ ଆଉ ଗୋଟେ ଆଣି ସେଇ ମା'ବାପାଙ୍କ ଆଗରେ ଘରେ ରଖେ ଏବଂ ଘରେ ନିତି ମହାଭାରତ ହୁଏ ।

ଆମେ ଏଠି ଅତି ପରମ୍ପରାପ୍ରବଣ ହେଉନାହୁଁ ବା ରକ୍ଷଣଶୀଳତା ସପକ୍ଷରେ ଯୁକ୍ତି ରଖୁନାହୁଁ । ମାତ୍ର ଅତି ଆଧୁନିକତା ନାମରେ ନିଜ ବଂଶ, ବୁନିଆଦି, ଜାତି, ଭାଷା, ସଂସ୍କୃତି, ନିଜ ପୋଷାକ, ଖାଦ୍ୟପେୟ, ନିଜ ଗୁରୁଜନ, ନିଜ ଠାକୁର, ନିଜ ମାତୃଭୂମିର ଅବମାନନା ମଧ୍ୟ ଗ୍ରହଣୀୟ ନୁହେଁ । ପାଣି ପବନର ଅତି ସଂସର୍ଗ ଲୁହାକୁ ଯେମିତି କଳଙ୍କିଗ୍ରସ୍ତ କରିଦିଏ, କାଠକୁ ଯେମିତି ଘୁଣଖିଆ କରିଦିଏ, ସେମିତି ଅନ୍ୟର ଭାଷା, ପୋଷାକ, ଖାଦ୍ୟପେୟ ସଂସ୍କୃତି ସେମିତି ଆମ ମୂଳପିଣ୍ଡକୁ କଳଙ୍କିଗ୍ରସ୍ତ କରି ନ ଦଉ ! ଅନ୍ୟ ଜାତି ଓ ଧର୍ମର ପର୍ବପର୍ବାଣି ପାଳନ କରୁକରୁ ଆମ ଓଡ଼ିଆ ନବବର୍ଷ ଆମେ ଭୁଲିଗଲୁଣି । ସାବିତ୍ରୀ ବ୍ରତ ଛାଡି କଡ଼ୱା ଚୌଥ, ଖୁଦୁରୁକୁଣୀ ଛାଡ଼ି ଭାଇ ଦୁଜ, ରୁଦ୍ରାଭିଷେକ ଛାଡ଼ି ବୋଲ୍ ବମ ସଂସ୍କୃତିରେ ଏମିତି ପଶିଗଲାଣି ଯେ ଆମେ ସାବିତ୍ରୀ-ସତ୍ୟବାନ୍, ତଅପୋଇଙ୍କୁ ଭୁଲିଗଲୁଣି । ମଡର୍ନଟି ଆମ ମୁଣ୍ଡଟିକୁ ଖାଇଗଲାଣି । ପିତୃଶ୍ରାଦ୍ଧ ବେଳେ ଲୋକେ ନିଜ ଜେଜେବାପା ଜେଜେମାଆଙ୍କ ନା ଆଉ ମନେ ପକେଇ ପାରୁନାହାନ୍ତି । ସେମାନେ ଭାବୁଛନ୍ତି, ମନେରଖିବାର ଆବଶ୍ୟକତା ବୋଧେ ନାହିଁ । ଏ ଟ୍ରେଣ୍ଡ ଦେଖିଲେ ଭୟ ଲାଗୁଚି ଆମେ କୋଉଦିନ ଜଗନ୍ନାଥଙ୍କୁ ଭୁଲିଯାଉ, ଆଉ କୋଉ ଇମ୍ପୋର୍ଟେଡ ଠାକୁରଙ୍କୁ ଆଣି ସେ ସ୍ଥାନରେ ବସେଇବାର ଭୁଲ୍ କରିବାନି ତ ! ଆମ ପରପିଢ଼ିକୁ ଈଶ୍ୱର ଏ ସଦ୍‌ବୁଦ୍ଧି ଦିଅନ୍ତୁ, ଆଉ ବେଶି ସଦ୍‌ବୁଦ୍ଧି ଦିଅନ୍ତୁ ଆମ ତଥାକଥିତ ଛଦ୍ମ ଉଦାରବାଦୀ ମୁରବିମାନଙ୍କୁ !

ମୋ: ୯୪୩୭୨୮୬୫୧୨
ମେଲ: ranjank.das.rkd@gmail.com

# ଧର୍ମ - ରିଲିଜିଅନ୍



**ଜନାର୍ଦ୍ଦନ ବନ୍ଦ୍ୟୋପାଧ୍ୟାୟ**

ସାଧାରଣତଃ ଆମେ ଇଂରାଜୀ 'ରିଲିଜିଅନ୍' ଶବ୍ଦକୁ 'ଧର୍ମ' ଶବ୍ଦର ପ୍ରତିଶବ୍ଦ ବୋଲି ବିଚାର କରିଥାଉ । ଏହା କିନ୍ତୁ ଶବ୍ଦର ଧାତୁଗତ ଅର୍ଥ ତଥା ବାସ୍ତବ ତାତ୍ପର୍ଯ୍ୟ ଦୃଷ୍ଟିରୁ ପ୍ରମାଦପୂର୍ଣ୍ଣ ବୋଲି ମନେହୁଏ । ଧର୍ମ କଥାଟି ଆସିଛି ସଂସ୍କୃତର 'ଧୃ' ଧାତୁରୁ ଯାହାର ଅର୍ଥ ଧାରଣ କରିବା । ଯେକୌଣସି ବସ୍ତୁକୁ ତାହାର ସମସ୍ତ ବୈଶିଷ୍ଟ୍ୟ ସହିତ ଯେଉଁ ତତ୍ତ୍ୱ ଧାରଣ କରିଥାଏ ତାହା ହିଁ ତା'ର ଧର୍ମ । ଯେପରି କି ୦°-୧୦୦° ଡିଗ୍ରୀ ତାପମାତ୍ରା ମଧ୍ୟରେ ଦୁଇଟି ହାଡ୍ରୋଜେନ୍ କଣିକା ଓ ଗୋଟିଏ ଅକ୍ସିଜେନ୍ କଣିକାର ମିଶ୍ରଣ ଘଟିଲେ ଜଳର ସୃଷ୍ଟିହୁଏ । ଏହାର ସାମାନ୍ୟ ବ୍ୟତିକ୍ରମ ହେଲେ, ଜଳ ଆଉ ଜଳ ହୋଇ ରହିବ ନାହିଁ । ତେଣୁ ଏହି ତତ୍ତ୍ୱକୁ ହିଁ ଜଳର ଧାରକ ବା ଧର୍ମ କୁହାଯାଇପାରେ । ସତ୍ୟାନୁସରଣରେ କୁହାଯାଇଛି- ଧର୍ମକୁ ଜାଣିବା ମାନେ ହିଁ ବିଷୟର ମୂଳ କାରଣକୁ ଜାଣିବା, ଆଉ ସେହି ଜାଣିବା ହିଁ ଜ୍ଞାନ । ଏହି ଦୃଷ୍ଟିରୁ ବିଚାର କଲେ ମାନବଧର୍ମ ଯାହାକୁ ଆମେ ସାଧାରଣତଃ ଧର୍ମ ବୋଲି କହିଥାଉ, ତାହାର ତାତ୍ପର୍ଯ୍ୟ ହେଲା- ଯେଉଁ ସମସ୍ତ ଆଚାର-ଆଚରଣ, ଖାଦ୍ୟ-ପାନୀୟ, ଦେହ-ମନର ବୈଶିଷ୍ଟ୍ୟ ମଣିଷକୁ ମଣିଷ କରି ରଖିଛି ତାହା ହିଁ ମାନବ ଧର୍ମ । ସେହିପରି ସ୍ନେହ, ପ୍ରୀତି, ଦୟା, କ୍ଷମା, ପାରସ୍ପରିକତା, ଶ୍ରଦ୍ଧା, ଭକ୍ତି, ବିଶ୍ୱାସ, ବାକ୍‌ଶକ୍ତି, ଉଦ୍ଭାବନ-କ୍ଷମତା ଇତ୍ୟାଦି ଗୁଣ ମଣିଷକୁ ପଶୁଠାରୁ ଭିନ୍ନ ଅର୍ଥାତ୍ ମାନବୀୟ ବୈଶିଷ୍ଟ୍ୟ ପ୍ରଦାନ କରିଛି । ଏଣୁ ମାନବ ଧର୍ମ କୌଣସି ଗୋଷ୍ଠୀ ବା ସମ୍ପ୍ରଦାୟ-ସାପେକ୍ଷ ନୁହେଁ, ଏହା ସମସ୍ତଙ୍କ ପାଇଁ ସମାନ । ଏହାର ପାଳନ ଯେତେ ଉନ୍ନତ ସେ ବ୍ୟକ୍ତି ମଣିଷ ହିସାବରେ ସେତେ ଉନ୍ନତ ।

ଅପରପକ୍ଷରେ ଇଂରାଜୀର ରିଲିଜିଅନ୍ ଶବ୍ଦ ଆସିଛି, ଦୁଇଟି ଲାଟିନ୍ ଶବ୍ଦ 'ରି' (ପୁନଃ) ଏବଂ 'ଲିଗେୟାର' (ନିବନ୍ଧନ)ର ସମ୍ମିଶ୍ରଣରେ, ଯାହାର ଅର୍ଥ ହେଲା, ପୁନଃ ନିର୍ବନ୍ଧନ ଅର୍ଥାତ୍ ଯେଉଁ ଉତ୍ସ ପୁରୁଷଙ୍କଠାରୁ ଆମର ଜୀବନ ନିସୃତ ହୋଇଛି । (ଯାହାଙ୍କୁ ଈଶ୍ୱର, ଆଲ୍ଲା ବା ଗଡ୍ କୁହାଯାଏ) ତାଙ୍କ ସହିତ ପୁନଃ ନିବନ୍ଧିତ ହେବା । ବିଶ୍ୱାସ, ନିଷ୍ଠା, ଶ୍ରଦ୍ଧା, ଭକ୍ତି, ପୂଜା, ଅର୍ଚ୍ଚନା, ଧ୍ୟାନ, ଧାରଣା, ପଠନ-ପାଠନ ଇତ୍ୟାଦିକୁ ଅବଲମ୍ବନ କରି ଯେଉଁ ସମସ୍ତ ଉପାସନା ପଦ୍ଧତି ଅନୁସୃତ ହୁଏ ତାହାକୁ ହିଁ ରିଲିଜିଅନ୍ କହନ୍ତି । ବିଭିନ୍ନ ସମୟରେ ବିଭିନ୍ନ ସ୍ଥାନରେ ଆବିର୍ଭୂତ ମହାପୁରୁଷଙ୍କ ପ୍ରଦତ୍ତ ଉପାସନା ପଦ୍ଧତିକୁ କେନ୍ଦ୍ରକରି ବିଭିନ୍ନ ସମ୍ପ୍ରଦାୟ, ଯଥା- ହିନ୍ଦୁ, ବୌଦ୍ଧ, ଜୈନ, ମୁସଲମାନ, ଖ୍ରୀଷ୍ଟିଆନ ଇତ୍ୟାଦି ସୃଷ୍ଟି ହୋଇଛି । ତେଣୁ ସମ୍ପ୍ରଦାୟ ଭେଦରେ ରିଲିଜିଅନ୍ ବହୁ ହେଲେ ମଧ୍ୟ ଧର୍ମ କିନ୍ତୁ ଏକ ଏବଂ ସାର୍ବଜନୀନ ହୋଇଥାଏ । ଉଦାହରଣସ୍ୱରୂପ- ସୁଖାଦ୍ୟ ଗ୍ରହଣ କଲେ ଜଣେ ହିନ୍ଦୁର ଜୀବନ ସୁରକ୍ଷିତ ରହେ ଏବଂ ବିଷ ଭକ୍ଷଣ କଲେ ଜୀବନ ବିପନ୍ନ ହୁଏ । ଅନୁରୂପ ଭାବରେ ଜଣେ ମୁସଲମାନ ବା ଖ୍ରୀଷ୍ଟିଆନ କ୍ଷେତ୍ରରେ ମଧ୍ୟ ସେହି ପରିଣତି ହୋଇଥାଏ । ସେହିପରି ଦୟା, କ୍ଷମା ଇତ୍ୟାଦି ଗୁଣର ଆଚରଣରେ ଯେକୌଣସି ସମ୍ପ୍ରଦାୟର ଲୋକଙ୍କ ଜୀବନ ଉନ୍ନତ ହୁଏ ଏବଂ ହିଂସା, ଦ୍ୱେଷ, ନିଷ୍ଠୁରତା ଇତ୍ୟାଦିର ଆଚରଣରେ ସମସ୍ତଙ୍କ ଜୀବନ ନିମ୍ନଗାମୀ ହୋଇଥାଏ ।



ତା'ଛଡ଼ା ରିଲିଜିଅନ୍ ମୁଖ୍ୟତଃ ମଣିଷର ଆଧାତ୍ମିକ ଜୀବନ ସହିତ ସଂଶ୍ଲିଷ୍ଟ ହୋଇଥିବା ବେଳେ ଧର୍ମ ତାହାର ସାମଗ୍ରିକ ଜୀବନ, ଅର୍ଥାତ୍ ଶାରୀରିକ, ମାନସିକ ଏବଂ ଆଧାତ୍ମିକ ଜୀବନକୁ ଧରିରଖେ ଏବଂ ଉନ୍ନତି ପଥରେ ପରିଚାଳିତ କରେ । ସେହି ଦୃଷ୍ଟିରୁ ଧର୍ମକୁ ସେକ୍ୟୁଲାର(ସମ୍ପ୍ରଦାୟ ନିରପେକ୍ଷ) ଏବଂ ରିଲିଜିଅନ୍‌କୁ କମ୍ୟୁନାଲ୍ (ସାମ୍ପ୍ରଦାୟିକ) କହିବା ଉଚିତ ହେବ ।

ଗଣତନ୍ତ୍ର ରାଷ୍ଟ୍ରକୁ ସେକ୍ୟୁଲାର ବା ସମ୍ପ୍ରଦାୟ ନିରପେକ୍ଷ ରାଷ୍ଟ୍ର କୁହଯାଏ । ରାଷ୍ଟ୍ରର ଧର୍ମ ହେଲା ତାହାର ସମ୍ବିଧାନ, ଯାହା ଉପରେ ରାଷ୍ଟ୍ର ତିଷ୍ଠି ରହିଥାଏ । ଆମ ସମ୍ବିଧାନରେ ସମ୍ପ୍ରଦାୟ ନିର୍ବିଶେଷରେ ପ୍ରତ୍ୟେକ ନାଗରିକଙ୍କର ସତ୍ ଭାବରେ ବଞ୍ଚିବାର ଏବଂ ଉନ୍ନତି କରିବାର ମୌଳିକ ଅଧିକାରକୁ ନିଶ୍ଚିତ କରାଯାଇଛି । ତେଣୁ ଆମର ରାଷ୍ଟ୍ର ସମ୍ପ୍ରଦାୟ ନିରପେକ୍ଷ ହୋଇ ମଧ୍ୟ ସାର୍ବଜନୀନ ମାନବ ଧର୍ମର ରକ୍ଷକ, ଅର୍ଥାତ୍ ଏକ ଧର୍ମସାପେକ୍ଷ ରାଷ୍ଟ୍ର ।

ଅତୀତରେ ଭାରତବର୍ଷରେ ଶୈବ, ଶାକ୍ତ, ଗାଣପତ୍ୟ, ବୈଷ୍ଣବ, ବୌଦ୍ଧ, ଜୈନ ଭଳି ଅନେକ ସମ୍ପ୍ରଦାୟର ଲୋକ ବସବାସ କରୁଥିଲେ ମଧ୍ୟ ସାଧାରଣ ମାନବ ଧର୍ମର ବିଧିବିଧାନଗୁଡ଼ିକ ସମସ୍ତେ ନିଜର ତଥା ପରିବେଶର ମଙ୍ଗଳ ନିମନ୍ତେ ନିଷ୍ଠାର ସହିତ ପାଳନ କରୁଥିଲେ । କେହି କାହାରି ସାମ୍ପ୍ରଦାୟିକ ମର୍ଯ୍ୟାଦା ଉପରେ ହସ୍ତକ୍ଷେପ କରୁ ନ ଥିଲେ । ଏଣୁ ସମାଜରେ ପ୍ରୀତି ସଂହତିର ଅଭାବ ନ ଥିଲା । ଧର୍ମ ହିଁ ନିଶ୍ଚିତ କରିଥିଲା ବିଭିନ୍ନତା ମଧ୍ୟରେ ଏକତ୍ୱର ଆଦର୍ଶ, ଯାହା ଭାରତବର୍ଷର ମହାନ୍ ଐତିହ୍ୟ ହୋଇ ଆସିଛି ।

ସର୍ବପ୍ରଥମେ ବ୍ରିଟିଶ ଶାସକ ଗୋଷ୍ଠୀ ଧର୍ମ ଏବଂ ରିଲିଜିଅନ୍‌କୁ ଏକାର୍ଥବୋଧକ ବୋଲି ଶିକ୍ଷା ଦେଲେ ଏବଂ ଧର୍ମର ଉଦାର, ସାର୍ବଜନୀନ ରୂପକୁ ବିକୃତ କରି ସାମ୍ପ୍ରଦାୟିକତା ସହିତ ଏକାକାର କରିଦେଲେ । ଶାସନର ସ୍ୱାର୍ଥ ଦୃଷ୍ଟିରୁ ହିନ୍ଦୁ ଏବଂ ମୁସଲମାନ ସମ୍ପ୍ରଦାୟ ମଧ୍ୟରେ ବିଦ୍ୱେଷ ଏବଂ ବିଭେଦର ବୀଜ ରୋପଣ କରିଲେ । ଫଳରେ ଲୋକଙ୍କର ସାର୍ବଜନୀନ ଧର୍ମ ଜୀବନ ରସାତଳଗାମୀ ହେଲା, ଯାହାର ପରିଣାମ ହେଲା ଦେଶ ବିଭାଜନ ଏବଂ ସାମ୍ପ୍ରଦାୟିକ ବିଦ୍ୱେଷ, ଯାହା ଆଜି ଦେଶବାସୀଙ୍କୁ ଭୋଗିବାକୁ ପଡୁଛି । ତେଣୁ ଦେଶ ଏବଂ ଜାତିର ମଙ୍ଗଳ ନିମନ୍ତେ ଧର୍ମକୁ ରିଲିଜିଅନ୍ ବା ସାମ୍ପ୍ରଦାୟିକତାଠାରୁ ମୁକ୍ତ କରିବାକୁ ପଡ଼ିବ ଏବଂ ସମ୍ପ୍ରଦାୟ ନିର୍ବିଶେଷରେ ପ୍ରତ୍ୟେକଙ୍କ ଧର୍ମ ଜୀବନକୁ ଉନ୍ନତ କରିବାକୁ ପଡ଼ିବ । କେବଳ ପଠନ-ପାଠନ, ପୂଜା-ଅନୁଷ୍ଠାନ ମଧ୍ୟରେ ଧର୍ମକୁ ସୀମିତ ନ ରଖି ଲୋକଙ୍କ ବାସ୍ତବ କର୍ମ ଜୀବନରେ ଧର୍ମର ବିଧି ବିଧାନକୁ ଆଚାର-ଆଚରଣ ମାଧ୍ୟମରେ ଫଳପ୍ରସୂ କରିବାର ପ୍ରୟାସ କରିବାକୁ ପଡ଼ିବ । ଧର୍ମକୁ ଜୀବନରେ ବାସ୍ତବାୟିତ କରିବାକୁ ହେଲେ ଏଭଳି ଜଣେ ବ୍ୟକ୍ତିଙ୍କୁ ଶ୍ରଦ୍ଧାର ସହିତ ଜୀବନରେ ଅନୁସରଣ କରିବାକୁ ହେବ, ଯିଏ ଧର୍ମର ବିଧିବିଧାନଗୁଡ଼ିକୁ ନିଜ ଜୀବନରେ ବାସ୍ତବାୟିତ କରିପାରିଛନ୍ତି । ତାଙ୍କୁ ହିଁ କହନ୍ତି ଆଚରଣ ସିଦ୍ଧ ଆଚାର୍ଯ୍ୟ ବା ଗୁରୁ । ତେଣୁ ପ୍ରାଚୀନ କାଳରୁ ଗୁରୁକୈନ୍ଦ୍ରିକ ଜୀବନ ଭାରତୀୟ ସଂସ୍କୃତିର ମାନଦଣ୍ଡ ହୋଇ ଆସିଛି । ଆଜିର ଧ୍ୱଂସମୁଖୀ ସମାଜକୁ ବଞ୍ଚିବାକୁ ହେଲେ, ସେହି ପଥକୁ ଫେରିବାକୁ ପଡ଼ିବ ।

ମୋ-୯୪୩୭୨୮୭୯୬୪

## ଏଇ ଭାରତରେ

ସାଫ୍ରୋନକୁ ରେଡ୍ ଗୋଲ୍ଡ କୁହାଯାଏ । ଏହାର ମୂଲ୍ୟ ଅଧିକ । ଏହା ମୁଖ୍ୟତଃ କଶ୍ମୀର ମାଟିରେ ଅଧିକ ଚାଷ ହୋଇଥାଏ । ତେବେ ଘର ଭିତରେ ସାଫ୍ରୋନ ଚାଷ କରିବା କଷ୍ଟକର ହୋଇଥିଲେ ମଧ୍ୟ ଗୁଜରାଟର ଦୁଇ ଇଞ୍ଜିନିୟର ଏଥିରେ ସଫଳ ହୋଇଛନ୍ତି । ସୁଭାଷ କାନେଟିୟା ଓ ଅଶିଷ ବାଭାଲିୟା ଇଞ୍ଜିନିୟରିଂ ପଢ଼ିବା ପରେ ଘର ଭିତରେ ସାଫ୍ରୋନ ଚାଷ କରିବାକୁ ଯୋଜନା କରିଥିଲେ । ସୁଭାଷ ବାୟୋଟେକ୍ନୋଲୋଜି ଓ କୃଷିରେ ଏବଂ ଆଶିଷ କୃଷି ଇଞ୍ଜିନିୟରିଂରେ ଡିଗ୍ରୀ ହାସଲ କରିଛନ୍ତି । ସେମାନେ ୟୁଟ୍ୟୁବ୍‌ରୁ ଏହି ଚାଷ ସମ୍ପର୍କିତ କୌଶଳ ଓ ଜ୍ଞାନ ହାସଲ କରିବା ପରେ ଏ ସମ୍ପର୍କରେ ଗବେଷଣା କରିଥିଲେ । ପ୍ରଥମେ ୨୦୨୨ରେ ଏହି ଚାଷ ଆରମ୍ଭ କରିଥିଲେ ଏବଂ ଆମରେଲିରେ ଥିବା ଆଶିଷଙ୍କ ଫାର୍ମରେ ୫୦ ବର୍ଗଫୁଟ ଜାଗାରେ ଏହା କରାଯାଇଥିଲା । ଏବେ ୨୧୬ ବର୍ଗଫୁଟ ଜାଗାରେ ଚାଷ କରାଯାଉଛି । ସେମାନେ ଏହି ଚାଷରୁ ଉତ୍ପାଦିତ ସାଫ୍ରୋନ କେଜି ପ୍ରତି ୯ ଲକ୍ଷ ଟଙ୍କାରେ ବିକ୍ରି କରୁଛନ୍ତି । ସେମାନେ ୨୦୨୩ରେ ହାଇଟେକ୍ ଏଗ୍ରିବାୟୋଟେକ୍ କମ୍ପାନୀ ପ୍ରତିଷ୍ଠା କରି ଘରଭିତରେ ସାଫ୍ରୋନ ଚାଷ ପଦ୍ଧତିକୁ ପ୍ରୋତ୍ସାହିତ କରୁଛନ୍ତି ।

## ୫୦ ବର୍ଷ ତଳର ଧରିତ୍ରୀ

**୧୩ ଏପ୍ରିଲ ୧୯୭୬**

- ପ୍ରବଳ ଘୂର୍ଣ୍ଣିଝଡ଼ ଫଳରେ ବାଂଲାଦେଶର ୩ଟି ଜିଲାରେ ବ୍ୟାପକ କ୍ଷୟକ୍ଷତି ଘଟିବା ସଙ୍ଗେ ସଙ୍ଗେ ଅନ୍ୟୁନ ୫୦ ଜଣ ବ୍ୟକ୍ତିଙ୍କ ମୃତ୍ୟୁ ।
- ଆଲାହାବାଦଠାରେ ଅନୁଷ୍ଠିତ ଏକ ପୁନର୍ମିଳନ ଉତ୍ସବରେ ସଂଗଠନ କଂଗ୍ରେସର ୭ ହଜାର କର୍ମୀଙ୍କ ସହ ବହୁ ପ୍ରବୀଣ ନେତା କଂଗ୍ରେସ ଦଳରେ ଆନୁଷ୍ଠାନିକ ଭାବେ ଯୋଗଦାନ କରିଛନ୍ତି ।
- ଗୁଜରାଟରେ ପୂର୍ବତନ ଜନତା ସାମ୍ମୁଖ୍ୟ ମନ୍ତ୍ରିମଣ୍ଡଳରେ ସଦସ୍ୟ ଥିବା ହରିଜନ ନେତା ଶ୍ରୀ କର୍ଷନ ଦାସ ସୋନେରୀଙ୍କ କଂଗ୍ରେସ ଦଳରେ ଯୋଗଦାନ ।

## ଚିରନ୍ତନୀ

ସହସା ଏ କି ଶବଦ ନବ
ଉଠିଲା କାହୁଁ ରାଜି,
କେଉଁ ଗଗନ ମୋହିତ କରି
ଆସିଲା ଖସି ଆଜି ।
(କୁହୁ ପ୍ରାସ)

-କାଳିନ୍ଦୀ ଚରଣ ପାଣିଗ୍ରାହୀ

## ସୁଡୋକୁ

su | do | ku
Puzzles by Srikant Ghosh

ସୁ-ଡୋ-କୁ

| | | | | | | | | |
|---|---|---|---|---|---|---|---|---|
| 9 | 6 | 5 | | | | | 7 | |
| | | 8 | | | | 2 | 9 | |
| 7 | | | | 8 | | | 5 | 4 |
| 8 | | | | 5 | | | | |
| | | 9 | | | | 4 | | |
| 2 | | | | | 3 | | | 9 |
| | | | | 6 | 2 | 7 | 1 | |
| | | 1 | | | | | | |
| | | | | 7 | | | 4 | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ ।

| | | | | | | | | |
|---|---|---|---|---|---|---|---|---|
| 2 | 7 | 6 | 8 | 4 | 1 | 5 | 3 | 9 |
| 5 | 8 | 9 | 2 | 3 | 6 | 1 | 7 | 4 |
| 4 | 3 | 1 | 9 | 7 | 5 | 2 | 6 | 8 |
| 7 | 4 | 8 | 3 | 2 | 9 | 6 | 5 | 1 |
| 9 | 5 | 2 | 6 | 1 | 4 | 7 | 8 | 3 |
| 6 | 1 | 3 | 5 | 8 | 7 | 4 | 9 | 2 |
| 3 | 6 | 7 | 1 | 9 | 2 | 8 | 4 | 5 |
| 8 | 2 | 5 | 4 | 6 | 3 | 9 | 1 | 7 |
| 1 | 9 | 4 | 7 | 5 | 8 | 3 | 2 | 6 |

ଗତକାଲିର ଉତ୍ତର

# ପାଠକ ଶ୍ରେଷ୍ଠ ବିଚାରକ

## ସ୍ୱାସ୍ଥ୍ୟ ପରୀକ୍ଷା କେନ୍ଦ୍ର ସଂଖ୍ୟା ବଢୁ

ମହାଶୟ,

ଏସ୍‌ସିବି ମେଡିକାଲରେ ସ୍ୱାସ୍ଥ୍ୟ ପରୀକ୍ଷା ପାଇଁ ବହୁ ଦିନ ଲାଗିଯାଉଛି । ଅଯଥା ସମୟ ନିଆଯାଉଛି । ଏପରିକି ଏମ୍‌ଆରଆଇ, ସିଟିସ୍କାନ୍ ଏବଂ ଅଲଟ୍ରାସାଉଣ୍ଡ ପରୀକ୍ଷା କରିବାକୁ ଧାଡ଼ିରେ ଦୀର୍ଘ ସମୟ ଅପେକ୍ଷା କରିବାକୁ ପଡୁଛି । ଏପରି ଭିଡ଼ରୁ ପ୍ରତିକାର ବ୍ୟବସ୍ଥା ଗ୍ରହଣ କରାଯାଉ । ଏ କ୍ଷେତ୍ରରେ ସ୍ୱାସ୍ଥ୍ୟମନ୍ତ୍ରୀ, ସ୍ୱାସ୍ଥ୍ୟ ବିଭାଗର ଦାୟିତ୍ୱ ଗୁରୁତ୍ୱପୂର୍ଣ୍ଣ । ବହୁ ଦୂରରୁ ଆସୁଥିବା ରୋଗୀମାନେ ନିରାଶ ଓ ହନ୍ତସନ୍ତ ହେଉଛନ୍ତି । ପ୍ରଚଣ୍ଡ ଖରାରେ ଯନ୍ତ୍ରଣା ପାଉଛନ୍ତି । ସେହିପରି ପରୀକ୍ଷା ସମ୍ପର୍କିତ ରିପୋର୍ଟ ମିଳିବା ବିଳମ୍ବ ହେଉଛି । ତୁରନ୍ତ ଅଧିକ ସଂଖ୍ୟାରେ ପରୀକ୍ଷା କେନ୍ଦ୍ର ଖୋଲାଯାଇ ସମସ୍ୟାର ସମାଧାନ କରାଯାଉ ।

**- ରମେଶ ଚନ୍ଦ୍ର ବେହେରା, ଆୟତପୁର, କଟକ**

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail:dharitripress@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

## ସେଲ୍ଫି କର୍ନର ଧରିତ୍ରୀ

ଆମକୁ ପଠାନ୍ତୁ ଆପଣଙ୍କ ସେଲ୍ଫି

metroselfie@gmail.com


@ ସୁମନ


@ ଲିପିତା


@ ବିକ୍ରମ


@ ପିଙ୍କୁ

ସେଲ୍ଫି ପଠାଇବା ସମୟରେ ନିଜର ନାମ ଏବଂ ମୋବାଇଲ ନମ୍ବର ଦେବାକୁ ଭୁଲନ୍ତୁ ନାହିଁ । ଯୋଗ୍ୟବିବେଚିତ ଫଟୋ ପ୍ରକାଶ ପାଇବ।

# ଏମ୍ସରେ କେନ୍ଦ୍ରୀୟ ଗବେଷଣା ପରୀକ୍ଷାଗାର ଉଦ୍‌ଘାଟନକଲେ ନଡ୍ଡା

- ବହୁମୁଖୀ ଉପଯୋଗ ଏବଂ ଗ୍ୟାଷ୍ଟ୍ରୋନମି ବ୍ଲକ୍ ପାଇଁ ଶିଳାନ୍ୟାସ
- ନବୀକୃତ ୱେବ୍‌ସାଇଟ୍, ଇଏଚ୍‌ଏସ୍ କ୍ଲିନିକ ଏବଂ ଅମୃତ ଫାର୍ମାସିର ଲୋକାର୍ପଣ

ଭୁବନେଶ୍ୱର, ୧୨।୪ (ବନ୍ଦନା ସେଠୀ)

କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ, ସାର ଓ ରସାୟନ ମନ୍ତ୍ରୀ ଜଗତ୍ ପ୍ରକାଶ ନଡ୍ଡା ଶନିବାର ଭୁବନେଶ୍ୱରସ୍ଥିତ ଅଖିଳ ଭାରତୀୟ ଆୟୁର୍ବିଜ୍ଞାନ ପ୍ରତିଷ୍ଠାନ(ଏମ୍ସ) ପରିଦର୍ଶନକରି ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ କରିଛନ୍ତି। ପ୍ରଥମେ ନଡ୍ଡା ଅତ୍ୟାଧୁନିକ କେନ୍ଦ୍ରୀୟ ଗବେଷଣା ପରୀକ୍ଷାଗାର ଉଦ୍‌ଘାଟନ କରିଥିଲେ। ଏହି ପରୀକ୍ଷାଗାର ଅତ୍ୟାଧୁନିକ ଚିକିତ୍ସା ଗବେଷଣାକୁ ଆଗକୁ ବଢ଼ାଇବା ଏବଂ ନବସୃଜନକୁ ପ୍ରୋତ୍ସାହିତ କରିବା ଉଦ୍ଦେଶ୍ୟରେ ଏକ ପରିବର୍ତ୍ତନକାରୀ ପଦକ୍ଷେପ ସାଜିବ। ଏହା ଡାକ୍ତର, ଗବେଷକମାନଙ୍କୁ ପ୍ରଭାବଶାଳୀ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ବେଶ୍ ସହାୟକ ହେବ। ଏଥିସହ କେନ୍ଦ୍ରମନ୍ତ୍ରୀ ବହୁମୁଖୀ ଉପଯୋଗ ଏବଂ ଗ୍ୟାଷ୍ଟ୍ରୋନମି ବ୍ଲକ୍ ପାଇଁ ଶିଳାନ୍ୟାସ କରିଥିଲେ। ଏହା ଛାତ୍ରୀଛାତ୍ର, ଅଧ୍ୟାପକ, କର୍ମଚାରୀ ଏବଂ ସାଧାରଣ ଜନତାଙ୍କ କ୍ରମବର୍ଦ୍ଧିଷ୍ଣୁ ଆବଶ୍ୟକତାକୁ ପୂରଣ କରିବ। ଏହି ବ୍ଲକ୍ ଗୋଟିଏ ଛାତ ତଳେ ଅତ୍ୟାବଶ୍ୟକ ସୁବିଧା ପ୍ରଦାନ କରିବ, ଯାହା କ୍ୟାମ୍ପସ ମଧ୍ୟରେ ଉଭୟ ପରିଚାଳନା ଦକ୍ଷତା ଏବଂ ଗୋଷ୍ଠୀ ଯୋଗଦାନକୁ ବୃଦ୍ଧି କରିବ। ପରେ ସେ ନବୀକରଣ ହୋଇଥିବା ଏମ୍ସ ଭୁବନେଶ୍ୱର ୱେବ୍‌ସାଇଟର ଲୋକାର୍ପଣ କରିଥିଲେ। ଏହି ୱେବ୍‌ସାଇଟରେ ରୋଗୀ ଏବଂ ପରିଦର୍ଶକଙ୍କ ପାଇଁ ବ୍ୟବହାରକାରୀ-ଅନୁକୂଳ ବୈଶିଷ୍ଟ୍ୟ ଏବଂ ସମନ୍ୱିତ ସେବା ପ୍ରଦାନର ସୁବିଧା ରହିଛି। ଏଥିରେ ଓଡ଼ିଶାର ସମୃଦ୍ଧ ସାଂସ୍କୃତିକ ଐତିହ୍ୟକୁ ପ୍ରଦର୍ଶିତ କରାଯାଇଥିବାବେଳେ ଅନୁଷ୍ଠାନର ସ୍ୱାସ୍ଥ୍ୟସେବା ସୁବିଧାର ପ୍ରବେଶକୁ ଉନ୍ନତ କରିଛି। ଅନ୍ୟପକ୍ଷରେ ଗସ୍ତର ଅଂଶବିଶେଷ ସ୍ୱରୂପ, ଅତ୍ୟାବଶ୍ୟକ ସ୍ୱାସ୍ଥ୍ୟ ସେବା ଏବଂ ସମସ୍ତଙ୍କ ପାଇଁ ସୁଲଭ ମୂଲ୍ୟର ଔଷଧର ଉପଲବ୍ଧତା ସୁନିଶ୍ଚିତ କରିବା ଉଦ୍ଦେଶ୍ୟରେ ମନ୍ତ୍ରୀ ଇଏଚ୍‌ଏସ୍ କ୍ଲିନିକ ଏବଂ ଅମୃତ ଫାର୍ମାସି ଉଦ୍‌ଘାଟନ କରିଥିଲେ। ପରେ କେନ୍ଦ୍ରମନ୍ତ୍ରୀ ଏମ୍ସ ଭୁବନେଶ୍ୱରର ବର୍ନ ସେଣ୍ଟର ପରିଦର୍ଶନ କରିଥିଲେ। ସେହିପରି ବହିର୍ବିଭାଗଠାରେ ସ୍ୱଚ୍ଛତା ପ୍ରଦର୍ଶନୀ, ସମନ୍ୱିତ ସ୍ୱାସ୍ଥ୍ୟ ଓ କଲ୍ୟାଣ କ୍ଲିନିକ, ରିମାଟୋଲୋଜି ଓ ଜେରିଆଟ୍ରିକ କ୍ଲିନିକ, ନବଜାତ ଜଟିଳ ଚିକିତ୍ସା ୟୁନିଟ୍ (ଏନ୍ଆଇସିୟୁ) ଆଦି ବୁଲି ଦେଖିଥିଲେ। ଏଥିସହ ସେ ସ୍ମୃତିଉପବନଠାରେ ଚାରା ରୋପଣ କରିଥିଲେ। ଗସ୍ତ ଶେଷରେ ଏକ ଉଚ୍ଚସ୍ତରୀୟ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଥିଲା। କେନ୍ଦ୍ରମନ୍ତ୍ରୀ ବର୍ତ୍ତମାନ ଚାଲିଥିବା ବିକାଶମୂଳକ ପ୍ରକଳ୍ପର ମୂଲ୍ୟାଙ୍କନ କରିଥିଲେ। ଡାକ୍ତରୀ ଛାତ୍ର, ପରିମେଳ କର୍ମଚାରୀ ଏବଂ ସ୍ୱାସ୍ଥ୍ୟକର୍ମୀଙ୍କ ସହ ସିଧାସଳଖ କଥା ହୋଇଥିଲେ। ନଡ୍ଡାଙ୍କ ଏହି ଗସ୍ତ ଅବସରରେ ଏମ୍ସ ଭୁବନେଶ୍ୱରର ଅଧ୍ୟକ୍ଷ ପ୍ରଫେସର ଡା. ଶୈଳେଶ କୁମାର, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରଫେସର ଡାକ୍ତର ଆଶୁତୋଷ ବିଶ୍ୱାସଙ୍କ ସମେତ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।


ଏମ୍ସ ଭୁବନେଶ୍ୱରରେ ବିଭିନ୍ନ ପ୍ରକଳ୍ପ ଉଦ୍‌ଘାଟନ ଓ ଶିଳାନ୍ୟାସ ଅବସରରେ କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ ଜେ.ପି. ନଡ୍ଡା, ଏମ୍ସ ଅଧ୍ୟକ୍ଷ ପ୍ରଫେସର ଡା. ଶୈଳେଶ କୁମାର, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରଫେସର ଡାକ୍ତର ଆଶୁତୋଷ ବିଶ୍ୱାସଙ୍କ ସହ ଅନ୍ୟମାନେ।

# ୬ ଚୋରା ବାଇକ୍ ଜବତ, ୨ ଗିରଫ

ଭୁବନେଶ୍ୱର,୧୨।୪(ସତ୍ୟଜିତ୍ ରାଉତ)

ବାଇକ୍ ଚୋରି ମାମଲାରେ ଶନିବାର ଲକ୍ଷ୍ମୀସାଗର ଥାନା ପୋଲିସ ୨ ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନେ ହେଲେ ଜଟଣୀ ଥାନା ଅଧୀନ ରଥପୁର ଗ୍ରାମର ଗୁଡୁ ଓରଫ ଅନ୍‌ସର୍ ସାହା (୨୫) ଓ ଦୀପକ ଭୋଇ (୨୭)। ସେମାନଙ୍କଠାରୁ ୬ଟି ଚୋରା ବାଇକ୍ ଜବତ ହୋଇଛି। କୋର୍ଟ ଚାଲାଣ ପରେ ଅଭିଯୁକ୍ତଦ୍ୱୟଙ୍କୁ ବିଚାରବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି।

ସୂଚନା ଅନୁଯାୟୀ, ଅଭିଯୋଗକାରୀ ପ୍ରେମାନନ୍ଦ ଜେନାଙ୍କ କଳ୍ପନା ଛକସ୍ଥିତ ତାରିଣୀ ବସ୍ତ୍ରାଳୟ ନିକଟରେ ଏକ ଜୁସ୍ ଦୋକାନ ରହିଛି। ଗତ ୫ ତାରିଖରେ ସେ ନିଜ ବାଇକ୍‌କୁ ନିକଟରେ ପାର୍କ କରି ଦୋକାନ ଖୋଲିଥିଲେ। ସେଠାରୁ ଅଭିଯୁକ୍ତ ଗୁଡୁ ତାଙ୍କ ବାଇକ ଚୋରି କରିନେଇଥିଲେ। ପ୍ରେମାନନ୍ଦଙ୍କ ଏତଲାକ୍ରମେ ପୋଲିସ ଏକ ମାମଲା (ନଂ.୧୪୩/୨୦୨୫) ରୁଜୁ କରିଥିଲା। ସିସି କ୍ୟାମେରାରେ ଗୁଡୁ ଚିହ୍ନଟ ହୋଇଥିଲେ। ତେବେ ଗୁଡୁ ଚୋରି କରୁଥିବା ବାଇକ୍‌ଗୁଡ଼ିକୁ ଦୀପକ କିଣି ନେଉଥିଲେ। ଜବତ ବାଇକ୍‌ରୁ ଦୀପକଙ୍କ ନିକଟରୁ ୫ଟି ମିଳିଥିଲା। ତେବେ ଗୁଡୁଙ୍କ ନାମରେ ଜଟଣୀ ଥାନାରେ ୩ ଓ କ୍ୟାପିଟାଲ ଥାନାରେ ୫ଟି ମାମଲା ରହିଥିବା ପୋଲିସ ସୂଚନା ଦେଇଛି।

# ହୋମଗାର୍ଡଙ୍କ ସମେତ ୩ ଜେଲ ଗଲେ




ଗିରଫ ହୋମ୍‌ଗାର୍ଡ ଗୁଲୁ ମହାନ୍ତି, ସୁକାନ୍ତ ବେହେରା ଓ ମନୋଜ ବେହେରା

## ବିଲ୍ଡରଙ୍କୁ ହତ୍ୟା ଘଟଣା

### ମୁଖ୍ୟ ଅଭିଯୁକ୍ତ ସମେତ ୪ ଫେରାର

ଭୁବନେଶ୍ୱର, ୧୨।୪ (ସତ୍ୟଜିତ୍ ରାଉତ)

ଜମି ବିବାଦକୁ କେନ୍ଦ୍ରକରି ଏୟାରଫିଲ୍ଡ ଥାନା ଅଞ୍ଚଳରେ ବିଲ୍ଡର ସସ୍ମିତ ବିଶ୍ୱାଳ ଓରଫ ଚିନୁ (୪୭)ଙ୍କୁ ହତ୍ୟା ଘଟଣାରେ ପୋଲିସ ଅଟକ ରଖିଥିବା ହୋମ୍‌ଗାର୍ଡଙ୍କ ସମେତ ୩ଜଣଙ୍କୁ ଶନିବାର ଗିରଫ କରିଛି। ସେମାନେ ହେଲେ କମିଶନରେଟ୍ ପୋଲିସରେ କାର୍ଯ୍ୟରତ ହୋମ୍‌ଗାର୍ଡ ସୁକାନ୍ତ ବେହେରା (୪୧), ଗୁଲୁ ମହାନ୍ତି (୩୪) ଓ ମନୋଜ ବେହେରା ଓରଫ ସିଲୁ (୩୧)। ସମସ୍ତଙ୍କ ଘର ପ୍ରଧାନସାହି ଗ୍ରାମରେ। ଅଭିଯୁକ୍ତମାନଙ୍କୁ କୋର୍ଟଚାଲାଣ କରାଯାଇଥିଲା। ପରେ ସେମାନଙ୍କୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି। ଏହି ମାମଲାରେ ଫେରାର ଥିବା ମୁଖ୍ୟ ଅଭିଯୁକ୍ତ ପ୍ରଧାନସାହିର ଟୁଲୁ ମହାନ୍ତିଙ୍କ ସମେତ ୪ଜଣଙ୍କୁ ଧରିବାକୁ ପୋଲିସ ଖୋଜାଖୋଜି ଚଳାଇଛି। ବ୍ୟବଚ୍ଛେଦ ବେଳେ ହାତ ଓ ଗୋଡ଼ରେ ଆଘାତ ଥିବା ଜଣାପଡ଼ିଛି। ରିପୋର୍ଟ ଆସିବା ପରେ ମୃତ୍ୟୁର ପ୍ରକୃତ କାରଣ ଜଣାପଡ଼ିବ ବୋଲି ଡିସିପି ଜଗମୋହନ ମୀନା ଖବରଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି। ତେବେ ପାରିପାର୍ଶ୍ୱିକ ସ୍ଥିତିରୁ ସସ୍ମିତଙ୍କୁ ପିଟିପିଟି ହତ୍ୟା କରିଥିବା ପୋଲିସ ସନ୍ଦେହ କରୁଛି। ସସ୍ମିତଙ୍କ ଶରୀରରେ ଆଭ୍ୟନ୍ତରୀଣ ଆଘାତ ଥିବା ଅନୁମାନ କରାଯାଉଛି।

ସୂଚନା ଅନୁଯାୟୀ, ଭୀମପୁର ଅଞ୍ଚଳର ସସ୍ମିତ ପ୍ରଧାନସାହି ମୌଜାରେ ଜମି ବ୍ୟବସାୟ କରୁଥିଲେ। ପୂର୍ବରୁ ଟୁଲୁ ତାଙ୍କର ବ୍ୟବସାୟ ପାର୍ଟନର ଥିଲେ। କିଛିମାସ ତଳେ ସସ୍ମିତ ଉକ୍ତ ଅଞ୍ଚଳରେ ଏକ ବଡ଼ ଜମି କିଣିଥିଲେ। ତେବେ ତାଙ୍କ ଜମିକୁ ଲାଗି ହୋମଗାର୍ଡ ସୁକାନ୍ତଙ୍କର ଏକ ପ୍ଲଟ୍ ଥିବାବେଳେ ସେଥିରୁ ସସ୍ମିତଙ୍କୁ ରାସ୍ତା ଦେବେ ବୋଲି ଏଗ୍ରିମେଣ୍ଟ ହୋଇଥିଲା। ଏଥିପାଇଁ ସୁକାନ୍ତ ପ୍ରାୟ ୩୯ ଲକ୍ଷ ଟଙ୍କା ଦାବି କରି ନେଇଥିଲେ। ହେଲେ ପରେ ଟୁଲୁଙ୍କ କଥାରେ ପଡ଼ି ସୁକାନ୍ତ ଆଉ ଧରାଛୁଆଁ ଦେଇ ନ ଥିଲେ। ସସ୍ମିତ ସେଠାରେ ରାସ୍ତା ସହ ପାଚେରି କରିବା ବେଳେ ଟୁଲୁ ଓ ସୁକାନ୍ତ ବିରୋଧ କରିଥିଲେ। ଗତ ଡିସେମ୍ବରରେ ସସ୍ମିତଙ୍କ ପାଚେରିକୁ ଅଭିଯୁକ୍ତମାନେ ଭାଙ୍ଗି ଦେଇଥିଲେ। ଏନେଇ ସସ୍ମିତ ଥାନାରେ ଅଭିଯୋଗ କରିଥିଲେ। ଶୁକ୍ରବାର ସକାଳେ ସସ୍ମିତ ସ୍କୁଟି ଯୋଗେ ସେଠାକୁ ଯାଇଥିବାବେଳେ ଅଭିଯୁକ୍ତମାନଙ୍କ ସହ ଗଣ୍ଡଗୋଳ ହୋଇଥିଲା। ଏପରି କି ପୋଲିସ ମଧ୍ୟ ଘଟଣାସ୍ଥଳକୁ ଯାଇ ଫେରିଥିଲା। ପରେ ଟୁଲୁ, ସୁକାନ୍ତ ଓ ଅନ୍ୟମାନେ ତାଙ୍କୁ ହତ୍ୟା କରିଥିଲେ। ଅପରାହ୍ନରେ ପ୍ରଧାନସାହି ପଡ଼ିଆ ନିକଟରୁ ପୋଲିସ ସସ୍ମିତଙ୍କ ମୃତଦେହ ଜବତ କରିଥିଲା। ସସ୍ମିତଙ୍କ ଭାଇ ଦେବଦତ୍ତଙ୍କ ଏତଲାକ୍ରମେ ପୋଲିସ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା।




**Kia Syros**
Evolved by the future

At Kia, safety isn't just a feature, it's our promise. The new Syros raises the bar with a bold design, cutting-edge technology, first-of-its-kind features and advanced safety. And now with a 5-star BNCAP rating, it goes on to prove that the new Syros is not just built to impress, but is a complete package.

**Enhanced Protection** Safety, reimagined

ADAS~ Level 2.0 | 6 Airbags Standard | Robust 20 Standard Safety Features | Smart Dashcam with Dual Camera | 360 Degree Camera with Blind View Monitor

**Innovative Technology** Future, reimagined

- Dual Pane Panoramic Sunroof
- FIRST-IN-SEGMENT: 2nd Row Seat Reclining & Sliding with Seat Ventilation (Seats Only)
- BEST-IN-SEGMENT: 76.20 cm (30") Trinity Panoramic Display Panel
- FIRST-IN-SEGMENT: Kia Connect 2.0** with Over-the-Air (OTA) Software Updates and Other 80+ Connected Car Features
- Harman Kardon Premium 8 Speakers Sound System
- Electric Parking Brake with Auto Hold

**Book now** | Call 1800 108 5000 | 093195 91407 | Visit www.kia.com | Kia Syros

Terms & Conditions Apply. *Ex-showroom price all India. Segment is defined as vehicle with length between 3 990 mm – 3 999 mm and height - 1 680 mm. **Kia Connect 2.0 comes with 3 years free subscription. Kia Connect 2.0 features may vary depending on the variant, device compatibility, software and network availability in the vehicle. ~Advanced Driver Assistance System (ADAS) is not a substitute for human eye and driver vigilance. It is an assistance feature that enhances driving experience and safety. Effectiveness of ADAS may vary based on actual situation and all objects around vehicle may not be detected. The driver shall remain responsible for safe, vigilant, and attentive driving. The product & feature images shown in this advertisement are for representation purposes only. Color, features and specifications as shown may not be part of standard fitment and may vary or differ slightly depending on models/variants from the one shown in this advertisement. Model shown is subject to availability and may not be available across all variants. Kia India Pvt. Ltd. (Formerly known as Kia Motors India Private Limited) reserves the right to make any changes with respect to the trims, colors, specifications, other details of any model as mentioned or to discontinue any model without prior notice. For more details visit your local Kia dealership. Kia India Pvt. Ltd. urges you to follow traffic rules, these are meant to keep you safe on roads. We do not endorse vandalism or illegal activities related to road safety. Safety is a top priority, and we urge responsible behavior regarding traffic regulations and road safety.

FOR INFORMATION CONTACT: BHUBANESHWAR: CENTRAL KIA, PAHAL, PH: 7440002919, TRUPTI KIA, PATRAPADA, PH: 7064414001/ 7064414004/ 7064414005, PURI BYPASS ROAD, PH: 7064414001, GUGNANI KIA, PATIA, PH: 9777064777, 9124401544, BHAWANIPATNA: MAJESTY KIA, PH: 9124572956, CUTTACK: CENTRAL KIA, PH: 9237304769, ROURKELA: KRISHNA KIA, PH: 7852941723, BALASORE: BASANTI KIA, PH: 7077732182, BERHAMPUR: CENTRAL KIA, PH: 7440002919, SAMBALPUR: CENTRAL KIA, PH: 7440004263, ANGUL: CENTRAL KIA, PH: 7440002919, JEYPORE: MAJESTY KIA, PH: 9124572378, KEONJHAR: TRUPTI KIA, PH: 7064414005

INNOCEAN-018/25







# ବିକାଶଧାରାରେ ନୂଆ ସହର

ଦିନ ଥିଲା ଭୁବନେଶ୍ୱର କହିଲେ ଓଲ୍ଡଟାଉନ୍, କପିଳ ପ୍ରସାଦ, କପିଳେଶ୍ୱର ଏବଂ ସାମନ୍ତରାପୁର ଆଦି ଅଞ୍ଚଳକୁ ବୁଝାଉଥିଲା। ଐତିହ୍ୟ, କଳା, ସଂସ୍କୃତି, ପରମ୍ପରା ଥିଲା ଏହି ମନ୍ଦିରମାଳିନୀ ସହରର ସ୍ୱତନ୍ତ୍ର ପରିଚୟ। ୪୦ହଜାର ଜନସଂଖ୍ୟାକୁ ନେଇ ଭୁବନେଶ୍ୱରକୁ ରାଜ୍ୟର ରାଜଧାନୀ ଘୋଷଣା କରାଯିବା ସହ ୧୯୪୮ ଏପ୍ରିଲ ୧୩ରେ ଏଥିପାଇଁ ଶିଳାନ୍ୟାସ କରାଗଲା। ୧୯୫୨ ଅକ୍ଟୋବର ପହିଲାରେ ବିଜ୍ଞାପିତ ଅଞ୍ଚଳ ପରିଷଦ, ୧୯୭୯ରେ ମ୍ୟୁନିସିପାଲିଟି ଓ ୧୯୯୪ରେ ଭୁବନେଶ୍ୱର ମହାନଗର ନିଗମ (ବିଏମ୍ସି) ମାନ୍ୟତା ପାଇଲା। ଏହା ପୂର୍ବରୁ ଅର୍ଥାତ୍ ୧୯୮୩ ଏପ୍ରିଲ ୧ରେ ଭୁବନେଶ୍ୱର ଉନ୍ନୟନ କର୍ତ୍ତୃପକ୍ଷ (ବିଡିଏ) ଗଠନ ହେବା ପରେ ସହର ବିକାଶର ମୂଳଦୁଆ ପଡିଥିଲା। ଇତିମଧ୍ୟରେ ରାଜଧାନୀ ଭୁବନେଶ୍ୱର ୭୭ ବର୍ଷ ଅତିକ୍ରମ କରି ୭୮ ବର୍ଷରେ ପାଦ ଥାପିଥିବାବେଳେ ବିକାଶଧାରାର ନୂଆ କୀର୍ତ୍ତିମାନ ସ୍ଥାପନ କରିଛି। ଚାରିଦିଗରୁ ସହର ବଢ଼ିଚାଲିଛି। ଜନସଂଖ୍ୟା ମଧ୍ୟ ୧୩ ଲକ୍ଷ ଟପିଛି। ନୂଆ ନୂଆ ସହର ଗଢ଼ି ଉଠୁଥିବାବେଳେ ଶିକ୍ଷା, ସ୍ୱାସ୍ଥ୍ୟ, ଖେଳ, ପର୍ଯ୍ୟଟନ, ଗମନାଗମନ, ଆତିଥେୟତା, ଷ୍ଟାର୍ଟଅପ୍ ଆଦି ବିଭିନ୍ନ କ୍ଷେତ୍ରରେ ଭୁବନେଶ୍ୱର ଆଗକୁ ବଢ଼ିଚାଲିଛି। ରାଜଧାନୀର ଏହି ଦୀର୍ଘ ସଫଳ ଯାତ୍ରାକୁ ନେଇ ସ୍ୱତନ୍ତ୍ର ଉପସ୍ଥାପନା ।

–ବନ୍ଦନା ସେଠୀ, ଭୁବନେଶ୍ୱର



## ସ୍ୱଚ୍ଛ ସର୍ବେକ୍ଷଣରେ ୩୪ତମ ର୍ୟାଙ୍କ୍, ରାଜ୍ୟରେ ପ୍ରଥମ

କେନ୍ଦ୍ର ଗୃହ ଓ ସହରାଞ୍ଚଳ ବ୍ୟାପାର ମନ୍ତ୍ରଣାଳୟ ଦ୍ୱାରା ହୋଇଥିବା ସ୍ୱଚ୍ଛ ସର୍ବେକ୍ଷଣ–୨୦୨୩ ଘୋଷଣା କରାଯାଇଥିବାବେଳେ ୮୦ତମ ର୍ୟାଙ୍କରୁ ଭୁବନେଶ୍ୱରକୁ ୩୪ତମ ର୍ୟାଙ୍କ୍ ମିଳିଥିଲା। ଏଥିସହ ୱାଟର ପ୍ଲସ୍ ଏବଂ ଗାର୍ବେଜ୍ ଫ୍ରି ବା ଆବର୍ଜନାମୁକ୍ତ ସହର ଭାବେ ୩ ଷ୍ଟାର ରେଟିଂ ମିଳିବା ସହ ରାଜ୍ୟରେ ପ୍ରଥମ ସହର ଭାବେ ସ୍ଥାନ ଅଧିକାର କରିଛି। ସ୍ୱଚ୍ଛ ସର୍ବେକ୍ଷଣ ସର୍ଭେରେ ମୋଟ୍ ୯୫୦୦ ନମ୍ବର ମଧ୍ୟରୁ ଭୁବନେଶ୍ୱରକୁ ୭୩୧୪.୯୦ ନମ୍ବର ମିଳିଥିଲା। ଏଥିରୁ ୫୧% ଅର୍ଥାତ୍ ୪୮୩୦ ମାର୍କ ସର୍ଭିସ ଲେଭଲ ପ୍ରୋଗ୍ରେସ ବାବଦରେ ଥିବାବେଳେ ୨୬% ଅର୍ଥାତ୍ ୨୫୦୦ ମାର୍କ ସାର୍ଟିଫିକେଶନ୍ ଏବଂ ୨୩% ବା ୨୧୭୦ ମାର୍କ ସିଟିଜେନ୍ ଭଏସ୍ ବାବଦରେ ମିଳିଥିଲା।

## ବିଶ୍ୱସ୍ତରୀୟ ସ୍ୱାସ୍ଥ୍ୟସେବା

ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଭୁବନେଶ୍ୱର ବହୁ ସୁନାମ ଅର୍ଜନ କରିଛି। କ୍ୟାପିଟାଲ ହସ୍ପିଟାଲ ଓ ଅଖିଳ ଭାରତୀୟ ଆୟୁର୍ବିଜ୍ଞାନ ସଂସ୍ଥାନ (ଏମ୍ସ) ଭଳି ମେଡିକାଲ କଲେଜ ରହିଛି। କ୍ୟାପିଟାଲ ହସ୍ପିଟାଲକୁ 'ପୋଷ୍ଟ ଗ୍ରାଜୁଏଟ୍ ଇନ୍ଷ୍ଟିଚ୍ୟୁଟ୍ ଅଫ୍ ମେଡିକାଲ ଏଜୁକେଶନ ଆଣ୍ଡ୍ ରିସର୍ଚ୍ଚ' (ପିଜିଆଇଏମ୍ଇଆର୍) ଭାବେ ବିକଶିତ କରାଯାଇଥିବାବେଳେ ନିକଟରେ ପାନ୍କ୍ରିୟାସ୍ କ୍ୟାନ୍ସରର ବିରଳ ଲାପ୍ରୋସ୍କୋପି ଅସ୍ତ୍ରୋପଚାର କରି ବଡ଼ ସଫଳତା ହାସଲ କରିଛି। ବିଏମ୍ସି ଅଧୀନରେ ଥିବା ୨୨ଟି ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର(ୟୁପିଏଚ୍ସି) ଓ ୪ଟି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ପକ୍ଷରୁ 'କାୟାକଳ୍ପ ପୁରସ୍କାର' ମିଳିଛି। ସେହିଭଳି ବହୁ ଘରୋଇ ମେଡିକାଲ କଲେଜ ଆଣ୍ଡ୍ ହସ୍ପିଟାଲ ବିଶ୍ୱସ୍ତରୀୟ ଚିକିତ୍ସା ସେବା ପ୍ରଦାନ କରୁଛନ୍ତି।

## ସହର ବିକାଶ ଯୋଜନାରେ ୧୪୩ ରାଜସ୍ୱ ଗାଁ ସାମିଲ

ଭୁବନେଶ୍ୱର ଉନ୍ନୟନ କର୍ତ୍ତୃପକ୍ଷ (ବିଡିଏ) ପକ୍ଷରୁ ସହରର ସମ୍ପ୍ରସାରଣ ଏବଂ ଭିତ୍ତିଭୂମି ବିକାଶ ଉପରେ ଗୁରୁତ୍ୱ ଦିଆଯାଇଛି। ସମୁଦାୟ ୧୪୩ଟି ନୂତନ ରାଜସ୍ୱ ଗ୍ରାମକୁ ବିଡିଏ ସହ ସାମିଲ କରିବା ନେଇ ଅନୁମୋଦନ ମିଳିଛି। ବିଡିଏ ବର୍ତ୍ତମାନ ବିଏମ୍ସି, ଖୋର୍ଦ୍ଧା ପୌର ପରିଷଦ, ଜଟଣୀ ପୌର ପରିଷଦ ଏବଂ ପିପିଲି ବିଜ୍ଞାପିତ ଅଞ୍ଚଳ ପରିଷଦ (ଏନ୍ଏସି) ଆଦି ୪ଟି ସହରାଞ୍ଚଳ ସହ ନିକଟବର୍ତ୍ତୀ ଗ୍ରାମପଞ୍ଚାୟତ ଅଞ୍ଚଳଗୁଡ଼ିକୁ ତଦାରଖ କରୁଛି। ସହର ସମ୍ପ୍ରସାରଣ ଯୋଜନାବଦ୍ଧ ବିକାଶକୁ ପ୍ରୋତ୍ସାହନ କରିବା, ଭିତ୍ତିଭୂମିର ଉନ୍ନତି ତଥା ଦ୍ରୁତ ସହରୀକରଣରେ ବାଧକ ସାଜୁଥିବା ସମସ୍ୟାର ସମାଧାନ କରିବ। ୧୯୮୩ ମସିହାରେ ୧୧୬ଟି ରାଜସ୍ୱ ଗ୍ରାମକୁ ନେଇ ବିଡିଏର ସହର ବିକାଶ ଆରମ୍ଭ ହୋଇଥିଲା। ତେବେ ନୂତନ ଗ୍ରାମଗୁଡ଼ିକ ମିଶିବା ପରେ ବିଡିଏ ଅଧିକୃତ କ୍ଷେତ୍ରରେ ଥିବା ମୋଟ୍ ଗ୍ରାମ ସଂଖ୍ୟା ୫୬୯ରୁ ବୃଦ୍ଧି ପାଇ ୭୧୨ରେ ପହଞ୍ଚିବ।

## ସଂଯୋଗୀକରଣର ହବ୍ ପାଲଟିଛି ଭୁବନେଶ୍ୱର





ବିମାନସେବା କ୍ଷେତ୍ରରେ ଭୁବନେଶ୍ୱର ଦିନକୁ ଦିନ ଅଗ୍ରଗତି କରି ଚାଲିଛି। ଭୁବନେଶ୍ୱରରୁ ଦୁବାଇକୁ ସିଧାସଳଖ ବିମାନ ସେବା ସହ ସିଙ୍ଗାପୁର, ବ୍ୟାଙ୍କକ୍କୁ ଅନ୍ତର୍ଜାତୀୟ ବିମାନ ଚଳାଚଳ କରୁଛି। ସେହିପରି ଏପ୍ରିଲ୍ ୧ରୁ ଭୁବନେଶ୍ୱରରୁ ଗୋଆକୁ ସିଧାସଳଖ ବିମାନ ସେବା ଉପଲବ୍ଧ ହେଉଛି। ଏହାଦ୍ୱାରା ଭୁବନେଶ୍ୱର ସଂଯୋଗୀକରଣର ଏକ ବଡ଼ ହବ୍ ହେବା ସହିତ ପର୍ଯ୍ୟଟକ, ନିବେଶକ ତଥା ପ୍ରବାସୀଙ୍କ ପାଇଁ ନିରାପଦ ତଥା ସୁଲଭ ଯାତ୍ରାର ସୁଯୋଗ ସୃଷ୍ଟି କରୁଛି।

## ଭୁବନେଶ୍ୱର ଏମର୍ଜିଂ ମଡର୍ନ ସିଟି: ମେୟର

ଭୁବନେଶ୍ୱରର ଇତିହାସ ଅତ୍ୟନ୍ତ ଗୌରବମୟ। ପୂର୍ବାପେକ୍ଷା ସହରର କଳେବର ବୃଦ୍ଧି ପାଇଛି। ଏବେ ଏହା ଏକ ଏମର୍ଜିଂ ମଡର୍ନ ସିଟିରେ ପରିଣତ ହୋଇଥିବାବେଳେ ବିଶ୍ୱସ୍ତରୀୟ ସହର ଭାବେ ଗଢ଼ିତୋଳିବାକୁ ପଦକ୍ଷେପ ନିଆଯାଉଛି। ଚଳିତବର୍ଷ ଦୁଇଦିନ ଧରି ୭୭ତମ ଜନ୍ମଦିନ ପାଳନ ହେବ। ସରକାରୀ ବିଭାଗ ଓ ବିଏମ୍ସିର ସମନ୍ୱୟରେ କାର୍ଯ୍ୟକ୍ରମ କରାଯିବ। ୬୭ଟି ୱାର୍ଡରେ କାର୍ଯ୍ୟକ୍ରମ ହେବ। ୧୪ ତାରିଖରେ ଓଡ଼ିଆ ପକ୍ଷ ସହ ପ୍ରତିଷ୍ଠା ଦିବସର ୨ୟ ଦିନ ପାଳନ ହେବ। ସମସ୍ତେ ଏହି କାର୍ଯ୍ୟକ୍ରମରେ ସାମିଲ ହେବାକୁ ମେୟର ସୁଲୋଚନା ଦାସ ଅପିଲ କରିଛନ୍ତି।

## ସ୍ପୋର୍ଟସ୍ କ୍ୟାପିଟାଲ

ଭୁବନେଶ୍ୱର କେବଳ ଶିକ୍ଷା, ସ୍ୱାସ୍ଥ୍ୟ, ସଂସ୍କୃତି କ୍ଷେତ୍ରରେ ନୁହେଁ, ସ୍ପୋର୍ଟ୍ସ କ୍ୟାପିଟାଲ ଭାବେ ମଧ୍ୟ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଛି। ଇତିମଧ୍ୟରେ ଏଠାରେ ୩ଟି ଅନ୍ତର୍ଜାତୀୟ ଖେଳ ଅନୁଷ୍ଠିତ ହୋଇଥିବାବେଳେ ଦ୍ୱିତୀୟଥର ଲାଗି ଚଳିତବର୍ଷ ବିଶ୍ୱକପ୍ ହକି ଆୟୋଜିତ ହୋଇଥିଲା। ସେହିପରି ୧୭ ବର୍ଷରୁ କମ୍ ମହିଳା ବିଶ୍ୱକପ୍ ଫୁଟ୍ବଲ, ୧୪ ବର୍ଷରୁ କମ୍ ଆଇଟିଏଫ୍ ଟେନିସ୍ ମଧ୍ୟ ଖେଳାଯାଇଥିଲା।

## ବ୍ୟାଡ୍ମିଣ୍ଟନ ହାଇପରଫର୍ମାନ୍ସ ସେଣ୍ଟର

କଳିଙ୍ଗ ଷ୍ଟାଡିୟମରେ ବ୍ୟାଡ୍ମିଣ୍ଟନ ଖେଳାଳିଙ୍କ ପାଇଁ ଡାଲମିଆ ଭାରତ ଗୋପୀଚାନ୍ଦ ଓଡିଶା ବ୍ୟାଡ୍ମିଣ୍ଟନ ହାଇପରଫର୍ମାନ୍ସ ସେଣ୍ଟର ଉଦ୍ଘାଟିତ ହୋଇଛି। ଏଠାରେ ଉତ୍ତମ ପ୍ରଶିକ୍ଷଣ ସହ ଖେଳାଳିଙ୍କର ସର୍ବାଙ୍ଗୀନ ବିକାଶ ପାଇଁ ସବୁ ପ୍ରକାର ସୁବିଧା ସୁଯୋଗ ରହିଛି। ଏହାବାଦ୍ ୮ ବ୍ୟାଡମିଣ୍ଟନ କୋର୍ଟ ଏବଂ ୪୦୦ ଦର୍ଶକଙ୍କ ପାଇଁ ବସିବା ବ୍ୟବସ୍ଥା କରାଯାଇଛି। ଏହାଦ୍ୱାରା ଆଗାମୀ ଦିନରେ ବ୍ୟାଡ୍ମିଣ୍ଟନ ଜଗତରେ ଓଡିଶା ବିଶ୍ୱ ମଞ୍ଚରେ ପରିଚିତ ହେବ ବୋଲି ଆଶା କରାଯାଉଛି।

## ଗଡ଼ିଲା ଡବଲ ଡେକର ବସ୍





ପ୍ରବାସୀ ଭାରତୀୟ ସମ୍ମିଳନୀ ଅବସରରେ ରାଜ୍ୟର ପ୍ରଥମ ଡବଲ ଡେକର ବସ୍ର ଶୁଭାରମ୍ଭ ଭୁବନେଶ୍ୱରଠାରେ ହୋଇଥିଲା। ୫ଟି ଡବଲ୍ ଡେକର ବସ୍ ସମେତ ମୋଟ୍ ୪୦ଟି ଇ–ବସ୍ ଚଳାଚଳ ଆରମ୍ଭ କରିଥିଲା। ଏହା ବହୁମାତ୍ରାରେ କାର୍ବନ ନିର୍ଗମନ ହ୍ରାସ ସହ ଟ୍ରାଫିକ ସମସ୍ୟାକୁ ଦୂର କରିବାରେ ସହାୟକ ହେଉଛି। ଏହି ବସ୍ଗୁଡ଼ିକ ସାଧାରଣ ଯାତ୍ରୀ ଓ ପର୍ଯ୍ୟଟକଙ୍କ ପାଇଁ ବିଶେଷ ଭାବେ ଲାଭଦାୟକ ହେଉଛି।

## ଆକର୍ଷଣ ସାଜିଛି ନୂତନ ଜିଲା ଜଜ୍ କୋର୍ଟ କୋଠା



ଭୁବନେଶ୍ୱରରେ ଅନେକ ଉନ୍ନତୀକରଣ କାମ ହେବା ସହିତ ନୂତନ ଜିଲା ଜଜ୍କୋର୍ଟ କୋଠା ଆକର୍ଷଣ ସାଜିଛି। ୨୦୨୪ ଡିସେମ୍ବର ୫ରେ ଏହାକୁ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଉଦ୍ଘାଟନ କରିଥିଲେ। ୫ମହଲା ବିଶିଷ୍ଟ ଏହି କୋଠାରେ ବିଭିନ୍ନ ପ୍ରକାର ସୁବିଧା ଥିବାବେଳେ ମାଗଣା ୱାଇଫାଇ, ଅଗ୍ନି ନିରାପତ୍ତା ଆଦି ବ୍ୟବସ୍ଥା ରହିଛି। ସେହିପରି କୋର୍ଟରେ ୫୭ଟି କୋର୍ଟରୁମ୍ ସହ ବହୁତଳ ପାର୍କିଂ ବ୍ୟବସ୍ଥା ହୋଇଛି।



ଭୁବନେଶ୍ୱରର କଳ୍ପନା ଛକରେ ଆକର୍ଷଣ ସାଜିଥିବା ପ୍ଲେସ୍ ମେକିଂ।



କଳା ଓ ସଂସ୍କୃତିରେ ଚିତ୍ରିତ ରାଜମହଲ ଓଭରବ୍ରିଜ୍।



ସତ୍ସଙ୍ଗ ବିହାର ସମ୍ମୁଖ ଜାତୀୟ ରାଜପଥରେ ନବନିର୍ମିତ ଫୁଟ୍ ଓଭରବ୍ରିଜ୍। (ଫଟୋ– ବିକାଶ)

## ଶ୍ରୀମନ୍ଦିର ହୁଣ୍ଡିରୁ ଆୟ



୧୨।୪।୨୦୨୫

| | |
|---|---|
| ୫,୬୧,୫୫୯ ଟଙ୍କା | |
| ସୁନା | ୩୨୦ ମିଲିଗ୍ରାମ୍ |
| ରୁପା | ୨୪.୫୦୦ ଗ୍ରାମ୍ |

# ପ୍ରଭୁ ନିତ୍ୟାନନ୍ଦ, ଗୌରାଙ୍ଗଙ୍କ ନଟବର, ପଦ୍ମବେଶ

ନିମାପଡ଼ା,୧୨।୪
(ହିଚିତ୍ରାନନ୍ଦ ସାହୁ/ରଞ୍ଜନ ପଟ୍ଟନାୟକ)

ନିମାପଡ଼ାର ବହୁ ପ୍ରାଚୀନ ରାସବାଡ଼ ମଠ ପକ୍ଷରୁ ରାସ ମହୋତ୍ସବ କେଉଁ ଆବାହମାନ କାଳରୁ ପାଳିତ ହୋଇଆସୁଛି। ଏହା ବସନ୍ତ ରାସ ଭାବେ ବେଶ ପରିଚିତ। ଏହି ପ୍ରସିଦ୍ଧ ଯାତ୍ରା ୯ ଦିନ ବ୍ୟାପି ପାଳିତ ହୋଇଥାଏ। ରାସବାଡ଼ ମଠର ଆରାଧ୍ୟ ଦେବତା ପ୍ରଭୁ ନିତ୍ୟାନନ୍ଦ, ଗୌରାଙ୍ଗ, ନୃସିଂହ, ଦାମୋଦର, ମଦନମୋହନ, ଶ୍ୟାମସୁନ୍ଦର, ଥାନାପତି ଗୋପୀନାଥ ଦେବ ଆଦି ୭ଟି ଠାକୁରଙ୍କ ୫ଟି ବିମାନରେ କୁଞ୍ଜ ଘରେ ବିଜେ ହୋଇ ପୂଜା ପାଆନ୍ତି। ପବିତ୍ର ଚୈତ୍ର ପୂର୍ଣ୍ଣିମା ଅବସରରେ ଶନିବାର ରାସବାଡ଼ ମଠ ପକ୍ଷରୁ ପ୍ରସିଦ୍ଧ ବସନ୍ତ ରାସଯାତ୍ରା ସମାରୋହରେ ପାଳିତ ହୋଇଯାଇଛି। ଏହି ଅବସରରେ କୁଞ୍ଜ ଗୃହରେ ଉପବିଷ୍ଟ ପ୍ରଭୁ ନିତ୍ୟାନନ୍ଦ, ଗୌରାଙ୍ଗଙ୍କ ବିରଳ ଆକର୍ଷଣୀୟ ନଟବର ଓ ପଦ୍ମବେଶ ଦର୍ଶକ ଦେଖି ବିଭୋର ହୋଇଥିଲେ। ଏହି ଅବସରରେ ପବିତ୍ର ରାସ ପୂର୍ଣ୍ଣିମାରେ ଶନିବାର ପୂର୍ଣ୍ଣରାସ ପାଳିତ ହୋଇ ବସନ୍ତ ରାସ ଯାତ୍ରା ଅନୁଷ୍ଠିତ ହୋଇଥିଲା। ଠାକୁରଙ୍କ ନିକଟରେ ନଦିଆ ସଂକୀର୍ତ୍ତନ ଓ ଗୋଟିପୁଅ ନୃତ୍ୟ ପରିବେଷଣ ହୋଇଥିଲା। ଏହି ରାସ ଯାତ୍ରା ବସନ୍ତ ରାସ ଅବସରରେ ନିମାପଡ଼ା ବଡ଼ବଜାର ଯୁବକ ସଂଘ ପକ୍ଷରୁ ଯାତ୍ରା ପଡ଼ିଆରେ ଆକର୍ଷଣୀୟ ଆତସବାଜି ପ୍ରଦର୍ଶନ ଓ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଶିତ ହୋଇଥିଲା। ଭୁବନେଶ୍ୱରର ମେଘମହ୍ଲାର ବ୍ୟାଣ୍ଡର ଖ୍ୟାତନାମା ନୃତ୍ୟ ସଙ୍ଗୀତ ଶିଳ୍ପୀଙ୍କ ଦ୍ୱାରା ପରିବେଷିତ ଆକର୍ଷଣୀୟ ମେଲୋଡ଼ି ଧମାକା ଦର୍ଶକଙ୍କୁ ବେଶ ବିମୋହିତ କରିଥିଲା। ଆୟୋଜିତ ବସନ୍ତ ମହୋତ୍ସବରେ ଅତିଥି ଭାବେ ବିଜେଡି ନେତା ଦିଲିପ ନାୟକ, ଟାଉନ କ୍ଲବ ସଭାପତି ଅକ୍ଷୟ ବେହେରା, ଯାଦବ ମହାସଂଘ ସଭାପତି ଗୟାଧର ବେହେରା ପ୍ରମୁଖ ଯୋଗଦେଇଥିଲେ। ସମାରୋହରେ ବିଶିଷ୍ଟ ଶିକ୍ଷାବିତ୍ ନିର୍ମଳ ମିଶ୍ର, ସ୍ଥାନୀୟ ନୃତ୍ୟ ଗୁରୁ ବିଷ୍ଣୁଚରଣ ସାସମଲଙ୍କ ସମେତ ନିମାପଡ଼ା ପ୍ରେସ୍ କ୍ଲବର ୬ ଜଣ କର୍ମକର୍ତ୍ତା ତଥା ଖବରଦାତାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ବଡ଼ ବଜାର ଯୁବକ ସଂଘର ରାଜେଶ ସାହୁ, ମନୋଜ ବେହେରା, ସ୍ୱାଧୀନ ନାୟକ ପ୍ରମୁଖ ନାଟ୍ୟ ନିର୍ଦ୍ଦେଶକ, ନିରଞ୍ଜନ ପଲତା ପ୍ରମୁଖ ଉତ୍ସବରେ ସଂଯୋଜନା ଓ ପରିଚାଳନା କରିଥିଲେ।





ପ୍ରଭୁ ନିତ୍ୟାନନ୍ଦ, ଗୌରାଙ୍ଗ ଆକର୍ଷଣୀୟ ନଟବର ଓ ପଦ୍ମବେଶରେ ଦର୍ଶନ ଦେଉଛନ୍ତି।

### ରାସ ମହୋତ୍ସବ

# ମା' ମଙ୍ଗଳାଙ୍କ ପୀଠରେ ଚଇତି ପର୍ବ



ପୀଠରେ ପୂଜାର୍ଚ୍ଚନା କରାଯାଉଛି ।

କଣାସ,୧୨।୪(ବିଭୂତି ଭୂଷଣ ତ୍ରିପାଠୀ)

କଣାସ ବ୍ଲକ କଣାସ ଗ୍ରାମପଞ୍ଚାୟତର ଜଳିଆପଡ଼ା ଗ୍ରାମରେ ପ୍ରତିଷ୍ଠିତ ମା' ମଙ୍ଗଳାଙ୍କ ମାତୃଶକ୍ତି ପୀଠରେ ଗତ ୯ ତାରିଖରୁ ଆରମ୍ଭ ହୋଇଥିବା ଚଇତି ପର୍ବ ଏବଂ ତ୍ରୟବିଂଶତମ ବାର୍ଷିକ ବିଶ୍ୱଶାନ୍ତି ମହାଯଜ୍ଞ ଶନିବାର ପୂର୍ଣ୍ଣାହୁତି ହୋଇ ଉଦ୍‌ଯାପିତ ହୋଇଯାଇଛି। ଗତ ୧୦ ତାରିଖରେ କଳସ ଯାତ୍ରାରେ ବିଭିନ୍ନ ଜିଲାରୁ ଆସିଥିବା ୫ ହଜାରରୁ ଊର୍ଦ୍ଧ୍ୱ ଭକ୍ତ ଯୋଗଦେଇଥିଲେ। ୪ ଦିନ ଧରି ଅଙ୍କୁରାରୋପଣ, ମଣ୍ଡଳକରନ, ଜଳଯାତ୍ରା, ଅଗ୍ନିସ୍ଥାପନ, ସୂର୍ଯ୍ୟପୂଜା, ଚଣ୍ଡୀପାଠ, ଅଭିଷେକ, ଯଜ୍ଞାହୁତି ଓ ପୂର୍ଣ୍ଣାହୁତି କାର୍ଯ୍ୟ ହୋଇଥିଲା। ପ୍ରତ୍ୟହ ହଜାର ହଜାର ଭକ୍ତଙ୍କ ପାଇଁ ପ୍ରସାଦ ସେବନର ବ୍ୟବସ୍ଥା ସହ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଶାନ୍ତିଶୃଙ୍ଖଳା ପାଇଁ କଣାସ ପୋଲିସ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ହୋଇଥିବାବେଳେ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ଗ୍ରାମ୍ୟ ଜଳ ଯୋଗାଣ ଅଧିକାରୀ ଏଥିରେ ପୂର୍ଣ୍ଣ ସହଯୋଗ କରିଥିଲେ। ମାତୃଶକ୍ତି ପୀଠର କର୍ମକର୍ତ୍ତା ଓ ଜଳିଆପଡ଼ା ଗ୍ରାମବାସୀ ସହଯୋଗ କରିଥିଲେ।

## ସଂକ୍ଷେପରେ

### 'ଶାନ୍ତି ହିଁ ମୁକ୍ତିର ମାର୍ଗ'

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ବୋଧିଚକ୍ର ଆନୁକୂଲ୍ୟରେ ସଭାପତି ଇଂ. ଗିରିଜା ଶଙ୍କର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଚୈତ୍ର ପୂର୍ଣ୍ଣିମା ଅବସରରେ ମାସିକ ଆଲୋଚନା 'ବୌଦ୍ଧ ଦର୍ଶନରେ ଶାନ୍ତି ଓ ନିର୍ବାଣ' ଶୀର୍ଷକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ସଭାପତି ଇଂ. ପାଢ଼ୀ କହିଥିଲେ, ତୃଷ୍ଣାରହିତ ଶୀଳଯୁକ୍ତ ଆଚରଣ ଗୃହୀ ଜୀବନରେ ଶାନ୍ତି ଓ ଆନନ୍ଦ ପ୍ରଦାନ କରିଥାଏ। ପ୍ରାରମ୍ଭରେ ବୁଦ୍ଧଙ୍କ ପ୍ରତିମୂର୍ତ୍ତିରେ ଦୀପଧୂପ ପ୍ରଦାନ ସହ ଉମେଶ ଚନ୍ଦ୍ର ଦାଶ ବୁଦ୍ଧବନ୍ଦନା ଗାନ କରିଥିଲେ। ଉପସଭାପତି ଅଧ୍ୟାପକ ଡ. ବଳରାମ ଦାଶ ବୌଦ୍ଧ ଦର୍ଶନରେ ଶାନ୍ତି ଓ ସମର୍ପଣ ହିଁ ମୁକ୍ତି ତଥା ନିର୍ବାଣର ମାର୍ଗ ବୋଲି କହିଥିଲେ। ପୂର୍ଣ୍ଣଚନ୍ଦ୍ର ସାହୁ ଧମ୍ମପଦ ଅନ୍ତର୍ଗତ ଜରାବର୍ଗ ପାଠ କରି ସଂସ୍କାରିତ ଜୀବନ ଚର୍ଯ୍ୟା ହିଁ ମୋକ୍ଷ ପ୍ରାପ୍ତିର ମାର୍ଗ ବୋଲି ଅଭିହିତ କରିଥିଲେ। ଆଲୋଚନାଚକ୍ରରେ ବିଶ୍ୱନାଥ ମିଶ୍ର, ଶିକ୍ଷାବିତ ଅଭିମନ୍ୟୁ ରାୟଗୁରୁ, ଅଧ୍ୟାପକ ଦୟାନିଧି ପଣ୍ଡା, ଏମ୍.କୋଟେଶ୍ୱର ପାତ୍ର, ହରପ୍ରସାଦ ମହାପାତ୍ର, କେଳୁ ଚରଣ ପାଇକରାୟ, ଐଶ୍ୱର୍ଯ୍ୟା କର, ଅନ୍ନପୂର୍ଣ୍ଣା କର,ପଦ୍ମିନୀ କୁମାରୀ ଅଂଶଗ୍ରହଣକରି ବୌଦ୍ଧ ଦର୍ଶନର ବ୍ୟାଖ୍ୟା ସହ ଗୌତମଙ୍କ ତ୍ୟାଗପୂତ ସେବା ରହିତ ଜୀବନଶୈଳୀ ହିଁ ମୁକ୍ତି ବୋଲି କହିଥିଲେ। ବାସୁଦେବ ସାହୁ ଧନ୍ୟବାଦ ଦେଇଥିଲେ।

# ବେଲଦଳରେ ବେଦାନ୍ତ ବିରୋଧୀଙ୍କ ବିଜୟ ଦିବସ



ବିଜୟ ଦିବସ ପାଳନ କାର୍ଯ୍ୟକ୍ରମରେ ବେଦାନ୍ତ ବିଶ୍ୱବିଦ୍ୟାଳୟ ବିରୋଧୀ ସଂଘର୍ଷ ସମିତିର ସଦସ୍ୟମାନେ ।

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ବେଲଦଳ ଗାଁରେ ବେଦାନ୍ତ ବିଶ୍ୱବିଦ୍ୟାଳୟ ବିରୋଧୀ ସଂଘର୍ଷ ସମିତି ପକ୍ଷରୁ ଶନିବାର ଗୌରାଙ୍ଗ ସ୍ୱାଇଁଙ୍କ ସଭାପତିତ୍ୱରେ ବିଜୟ ଦିବସ ପାଳନ କରାଯାଇଛି। ଏହିଅବସରରେ ୨୨ ମୌଜାର ଚାଷୀ ପ୍ରତିନିଧିମାନେ ଯୋଗଦେଇଥିଲେ। ସଂଯୋଜକ ବିଷ୍ଣୁପ୍ରସାଦ ମିଶ୍ର ତାଙ୍କ ବକ୍ତବ୍ୟରେ କହିଥିଲେ, ଏହା କେବଳ ଚାଷୀଙ୍କ ବିଜୟ ନୁହେଁ, ବରଂ ସମଗ୍ର ସମାଜର ଏକତାର ପ୍ରତୀକ। ଯୁବ ଛାତ୍ର, ମହିଳା, ସେବାୟତ ଓ ସମାଜର ବିଭିନ୍ନସ୍ତରର ଲୋକେ ଏହି ଆନ୍ଦୋଳନରେ ସାମିଲ ହୋଇ ଏକ ଐତିହାସିକ ସଫଳତା ହାସଲ କରିଥିଲେ। ଚାଷୀ ନେତା ଦାମୋଦର ପ୍ରଧାନ, କୈଳାସ ସ୍ୱାଇଁ, ପର୍ଶୁରାମ ପ୍ରଧାନ ଓ ମଧୁସୂଦନ ରାଉତରାୟ କହିଥିଲେ ଯେ, ଏହି ଆନ୍ଦୋଳନର ସଫଳତା ସଂଘର୍ଷ ସମିତିର ସଭାପତି ବେଣୁଧର ପ୍ରଧାନଙ୍କ ନେତୃତ୍ୱ ଯୋଗୁ ସମ୍ଭବ ହୋଇଛି। ତାଙ୍କ ଦୃଢ଼ ନିଷ୍ଠା ଓ ସାହସ ସମସ୍ତଙ୍କୁ ଏକତା ଓ ଶକ୍ତି ପ୍ରଦାନ କରିଥିଲା। ସେହିପରି ଆବାହକ ଉମାବଲ୍ଲଭ ରଥଙ୍କ ରଣକୌଶଳ ଏହି ବିଜୟର ମୂଳାଧାର ଥିଲା। ତାଙ୍କ ଯୋଜନା ଓ ସଂଗଠନ କ୍ଷମତା ଏହି ଆନ୍ଦୋଳନକୁ ସଫଳତାର ଶିଖରରେ ପହଞ୍ଚାଇଥିଲା। ଏହି ସଂଘର୍ଷରେ ଆଇନଗତ ସହାୟତା ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲା। ପୂର୍ବତନ ଆଡ୍‌ଭୋକେଟ ଜେନେରାଲ ଜୟନ୍ତ ଦାସ ଏବଂ ପ୍ରଖ୍ୟାତ ଓକିଲ ପ୍ରଶାନ୍ତ ଭୂଷଣ ବିନା ଅର୍ଥରେ ଏହି କେସ୍ ପରିଚାଳନା କରି ଚାଷୀଙ୍କୁ ସାହସ ଯୋଗାଇଥିଲେ। ୨୦୨୩ରେ ସୁପ୍ରିମକୋର୍ଟ ଦେଇଥିବା ରାୟ ଏହି ଆନ୍ଦୋଳନର ଏକ ବଡ଼ ସଫଳତା ଥିଲା। ଏହି ରାୟ ମାଧ୍ୟମରେ ବେଦାନ୍ତ ବିଶ୍ୱବିଦ୍ୟାଳୟ ପାଇଁ ଜମି ଅଧିଗ୍ରହଣ ରଦ୍ଦ ହୋଇଥିଲା, ଯାହା ଚାଷୀଙ୍କ ଜମି ଓ ଜୀବିକାକୁ ସୁରକ୍ଷା ଦେଇଥିଲା ବୋଲି ମତ ପ୍ରକାଶ ପାଇଥିଲା। ସଭାରେ ଚାଷୀ ପ୍ରତିନିଧି ନବକିଶୋର ପ୍ରଧାନ, ବ୍ରଜ ବେହେରା, ଉମାଚରଣ ପ୍ରଧାନ, ଲକ୍ଷ୍ମଣ ପ୍ରଧାନ ଓ ବାବନ ଜେନା ପ୍ରମୁଖ ଏକତା ଓ ପରସ୍ପର ସହଯୋଗର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ସେମାନେ କହିଥିଲେ ଯେ, ଏହି ବିଜୟ ୨୨ ମୌଜାର ମହିଳା ଓ ଯୁବ ସମାଜଙ୍କ ଅବଦାନ ବିନା ସମ୍ଭବ ହୋଇ ନ ଥାନ୍ତା। ଏହା କେବଳ ଜମି ରକ୍ଷାର ଲଢ଼େଇ ନ ଥିଲା, ବରଂ ଏକତା, ସାହସ ଓ ନ୍ୟାୟର ପ୍ରତୀକ ଥିଲା। ଏହି ବିଜୟ ଦିବସ ସମସ୍ତଙ୍କ ପାଇଁ ଏକ ପ୍ରେରଣା ହୋଇରହିବ। ଶେଷରେ ଚାଷୀ ସଂଗଠକ ହରପ୍ରସାଦ ଜେନା ଧନ୍ୟବାଦ ଦେଇଥିଲେ।

### ଏକତାର ଜୟଗାନ

# ପଣା ସଂକ୍ରାନ୍ତିରେ ଭୀମପୁରର ଖାଇଫୋଡ଼ ଯାତ୍ରା

ସାକ୍ଷୀଗୋପାଳ,୧୨।୪
(ଭରତ ରାଉତ)

ସ୍ଥାନୀୟ ଦାଶ ବିଦ୍ୟାଧରପୁର ପଞ୍ଚାୟତର ଭୀମପୁର ଗ୍ରାମର ଅଧିଷ୍ଠାତ୍ରୀ ଦେବୀ ମା' ଗଡ଼ଚଣ୍ଡୀଙ୍କ ପଣାସଂକ୍ରାନ୍ତି ଅବସରରେ ଖାଇଫୋଡ଼ ଯାତ୍ରା ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ପିଠିରେ କଣ୍ଟା ଫୁଟାଇ ମାନସିକଧାରୀ ପାଟୁଆମାନେ ୨୨ ହାତ ଉଚ୍ଚ ଖାଇଦଣ୍ଡରୁ ଝୁଲି ଘେରାକୁ ଘେରା ବୁଲିବା ଦୃଶ୍ୟ ଦେଖିବା ସହିତ ପୂଜାର୍ଚ୍ଚନା ନିମନ୍ତେ ଶ୍ରଦ୍ଧାଳୁଙ୍କ ଭିଡ଼ ଲାଗିବ। ଆଇନଶୃଙ୍ଖଳା ନିୟନ୍ତ୍ରଣ, ନିର୍ଦ୍ଧାରିତ ସମୟରେ ଦେବନୀତି, ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ ବୈଠକ ଅନୁଷ୍ଠିତ ହୋଇଯାଇଛି। ସୋମବାର ପଣା ସଂକ୍ରାନ୍ତି ଅବସରରେ ସକାଳ ୬ଟାରେ ଦ୍ୱାର ଉନ୍ମୋଚନ, ଆଳତି, ଦେବୀଙ୍କ ମାଜଣା, ନୂତନ ବସ୍ତ୍ର ଲାଗି ବେଶ କରାଯିବ। ସକାଳ ୮ଟାରୁ ୧୦ଟା ମଧ୍ୟରେ ସୂର୍ଯ୍ୟ ପାଟୁଆ ବା ନୂତନ ପାଟୁଆଙ୍କ ଫୋଡ କରାଯିବ। ୧୨ ଘଟିବାରୁ ୧ ଘଟିକା ମଧ୍ୟରେ ଠାକୁରାଣୀଙ୍କ କାଳେଶି ବିଜେ କରାଯାଇ ପାଟୁଆଙ୍କୁ ଲଳିତା ପୋଖରୀ ମଧ୍ୟରେ ଫୋଡ଼ କରାଯିବା ପରେ ପ୍ରସିଦ୍ଧ ଖାଇଫୋଡ଼ ଯାତ୍ରା ଅନୁଷ୍ଠିତ ହେବ। ବୈଠକ ପରିଚାଳନା କମିଟିର ଭ୍ରମରବର ରାଉତ, ଦୁଃଶାସନ ସାହୁ, ଗୋବିନ୍ଦ ସାହୁ, ଦେବେନ୍ଦ୍ର ରଥ, ଦୁର୍ଗା ପ୍ରସାଦ ରଥ, ବିଷ୍ଣୁ ପ୍ରସାଦ ରଥଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ। ଅନୁରୂପ ଭାବେ ଦାଶ ବିଦ୍ୟାଧରପୁର ଗ୍ରାମର ଖାଇଫୋଡ ପରମ୍ପରା ଅନୁଯାୟୀ ପାଳିତ ହେବ।

# ପୁରୀ ରୋଟାରି କ୍ଲବ୍‌ର ପ୍ରତିଷ୍ଠା ଉତ୍ସବ

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ରୋଟାରି ଇଣ୍ଟରନ୍ୟାଶନାଲ ଦ୍ୱାରା ପୁରୀରେ ୧୯୬୯ ଏପ୍ରିଲ ୧୦ରେ ପ୍ରତିଷ୍ଠିତ ପୁରୀ ରୋଟାରି କ୍ଲବ ୫୭ତମ ପ୍ରତିଷ୍ଠା ଦିବସ ଗୁରୁବାର ମହାସମାରୋହରେ ପାଳନ କରିଛି। ସ୍ଥାନୀୟ ରୋଟାରି କମ୍ୟୁନିଟି ସେଣ୍ଟର ପରିସରରେ ଆୟୋଜିତ ଉତ୍ସବରେ କ୍ଲବର ସଂଖ୍ୟାଧିକ ସଦସ୍ୟ ସପରିବାର ଯୋଗଦେଇଥିଲେ। କ୍ଲବ୍ ସଭାପତି କୃଷ୍ଣଚନ୍ଦ୍ର ପାତ୍ର ଉତ୍ସବରେ ଅଧ୍ୟକ୍ଷତା କରିଥିଲେ। ସମ୍ପାଦକ ଶୈଳେଶ କୁମାର ବେହେରା ଏହାକୁ ପରିଚାଳନା ଓ ପ୍ରାକ୍ତନ ସଭାପତି ସନ୍ତୋଷ କୁମାର ଲେଙ୍କା ଏହାର ସଂଯୋଜନା କରିଥିଲେ। ମୁଖ୍ୟ ଅତିଥି ତଥା ପୁରୀର ରାଜ୍ୟ ସଭା ସଦସ୍ୟ ଶୁଭାଶିଷ ଖୁଣ୍ଟିଆ ଏବଂ ସମ୍ମାନିତ ଅତିଥି ଭାବେ ରୋଟାରି ଡିଷ୍ଟ୍ରିକ୍ଟ ୩୨୬୨ର ଡିଜିଏନ୍‌ଡି ଇନ୍ଦ୍ରଜିତ୍ ସାହୁ ଯୋଗଦେଇଥିଲେ। ସଭାପତି ପାତ୍ର ସମସ୍ତଙ୍କୁ ସ୍ୱାଗତ କରିଥିବାବେଳେ ସମ୍ପାଦକ ବେହେରା କ୍ଲବ ପକ୍ଷରୁ ନିୟମିତ ଚାଲିଥିବା ଚକ୍ଷୁ ପରୀକ୍ଷଣ କେନ୍ଦ୍ର, ଦାତବ୍ୟ ହୋମିଓପାଥିକ ଚିକିତ୍ସାଳୟ ଓ ଯୋଗ ମାଧ୍ୟମରେ ଚିକିତ୍ସା ଆଦି ସମେତ ଅନ୍ୟାନ୍ୟ ସେବାମୂଳକ ପ୍ରକଳ୍ପ ଓ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। ବରିଷ୍ଠ ସଦସ୍ୟ ନରେନ୍ଦ୍ର ପାତ୍ର, ଦେବୀପ୍ରସନ୍ନ ନନ୍ଦ, ବିଜୟ କୁମାର ପତି ପ୍ରମୁଖ ଉପସ୍ଥିତ ରହି ନିଜ ନିଜ ମତ ରଖିଥିଲେ। ଏହି ଅବସରରେ ରୋଟାରି ଚାରିଟେବଲ ଟ୍ରଷ୍ଟର ପ୍ରାକ୍ତନ ଅଧ୍ୟକ୍ଷ ପତି, ରାମନାରାୟଣ ପୂଜାପଣ୍ଡା, ନରେନ୍ଦ୍ର ପାତ୍ର ଏବଂ ବର୍ତ୍ତମାନର ଅଧ୍ୟକ୍ଷ ଯୁଗବ୍ରତ କରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମ ଶେଷରେ ଭାବି ସଭାପତି ରତିକାନ୍ତ ନାୟକ ଧନ୍ୟବାଦ ଦେଇଥିଲେ। ସର୍ଜେଣ୍ଟ ଆଟ୍ ଆର୍ମ୍ସ ସମୀର କୁମାର ସୁବୁଦ୍ଧି ଉପସ୍ଥାପନ ବିବରଣୀ ପ୍ରଦାନ କରିଥିଲେ। ପରେ କିଛି ମନୋରଞ୍ଜନଭିତ୍ତିକ କାର୍ଯ୍ୟକ୍ରମ ହୋଇଥିଲା। ଉତ୍ସବ ପୂର୍ବରୁ ନୀଳାଦ୍ରି ବିଚ୍‌ରେ କ୍ଲବ ପକ୍ଷରୁ ଏକ ଥଣ୍ଡା ୱାଟର ଫିଲ୍‌ଟର ଲଗାଯାଇଥିଲା। ଉତ୍ସବ ପରିଚାଳନାରେ ପ୍ରାକ୍ତନ ସଭାପତି ଜୟ ଦାସଗୁପ୍ତା, ନାରାୟଣ ଦାଶ, ଅଜୟ ସାହା, ବଦ୍ରିନାରାୟଣ ପାତ୍ର ଓ କମଳେନ୍ଦୁ ଦାଶ ପ୍ରମୁଖ ସହଯୋଗ କରିଥିଲେ।

### ନବାହ୍ନ ପାରାୟଣ, ମହାଯଜ୍ଞ ଉଦ୍‌ଯାପିତ

ସାକ୍ଷୀଗୋପାଳ,୧୨।୪(ଭରତ ରାଉତ)

ସତ୍ୟବାଦୀ ବ୍ଲକ ଅଧୀନ ଅଳଗୁମସ୍ଥିତ ପ୍ରସିଦ୍ଧ ଜାଗେଶ୍ୱରୀ ଓ ଗଡେଶ୍ୱର ମହାଦେବଙ୍କ ମନ୍ଦିର ପ୍ରାଙ୍ଗଣରେ ଶ୍ରୀରାମ ଚରିତ ମାନସ ପାରାୟଣ ପରିଷଦ ପକ୍ଷରୁ ୯ ଦିନ ବ୍ୟାପି ୪୨ତମ ରାମଚରିତ ମାନସ ବାର୍ଷିକ ନବାହ୍ନ ପାରାୟଣ ଓ ପ୍ରବଚନ କାର୍ଯ୍ୟକ୍ରମ ଶନିବାର ଉଦ୍‌ଯାପିତ ହୋଇଯାଇଛି। ପ୍ରଥମ ଦିନରେ କଳସ ଶୋଭାଯାତ୍ରା, ଅଙ୍କୁରାରୋପଣ ପରେ ପାରାୟଣ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା। ସୀତା ବିବାହ, ସୁନ୍ଦରାକାଣ୍ଡ, ରାବଣପୋଡ଼ି ଉତ୍ସବ, ରାମାଭିଷେକ ଆଦି ବିଷୟବସ୍ତୁ ଉପରେ ପ୍ରବଚକ ବସନ୍ତ କୁମାର ଜେନା, ବିଭୁ ଦାସ, ଭିକାରୀ ଚରଣ ଜେନା, ସତ୍ୟନାରାୟଣ ପଣ୍ଡା, ରତ୍ନାକର ନାୟକଙ୍କ ସମେତ ପ୍ରବଚକମାନେ ପ୍ରବଚନ ଦେଇଥିଲେ। ବ୍ୟାସ ଭାବେ ମାନସ ଭୂଷଣ, ଇଂ. ରାମ ମୂର୍ତ୍ତି ଓ ପୂଜକ ପଦ୍ମନାଭ ମହାପାତ୍ର ଯଜ୍ଞ ପରିଚାଳନା କରିଥିଲେ। ପରିଷଦର କର୍ମକର୍ତ୍ତା କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

# ସିମିଳି ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ

କୋଣାର୍କ,୧୨।୪(ଜ୍ୟୋତିରାଜ ମହାନ୍ତି)

ଭୈରବ ନୋଡାଲ ୟୁପିଏସ୍ କ୍ଲଷ୍ଟର ଅନ୍ତର୍ଗତ ସିମିଳି ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପୂର୍ବତନ ପ୍ରଧାନ ଶିକ୍ଷକ ବାବୁରାମ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ବାର୍ଷିକ ଉତ୍ସବ ଓ 'ଆମ ସଂସ୍କୃତି ଆମ ଖେଳଣା' କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ସିମିଳି ସରପଞ୍ଚ ବିଶ୍ୱଜିତ ସ୍ୱାଇଁ, ଶିକ୍ଷକ ଚିତ୍ତରଞ୍ଜନ ଦାଶ, ରାଜଲକ୍ଷ୍ମୀ ମହାନ୍ତି, ବାନାମ୍ବର ବେହେରା, ସ୍କୁଲ ପରିଚାଳନା କମିଟି ସଭାପତି ପ୍ରଦୀପ୍ତ କୁମାର ମହାନ୍ତି ପ୍ରମୁଖ ଅତିଥି ରୂପେ ଯୋଗଦେଇ ଛାତ୍ରୀଛାତ୍ରଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ଶିକ୍ଷକ ନିରଞ୍ଜନ ସାସମଲ ଓ ଜଗତ୍ ଜୀବନ ଲେଙ୍କା ଉତ୍ସବ ପରିଚାଳନାରେ ସହଯୋଗ କରିଥିଲେ। ସିଆର୍‌ସିସି ରବୀନ୍ଦ୍ରନାଥ ବାହିନୀପତି ଯୋଗଦେଇ 'ଆମ ସଂସ୍କୃତି ଆମ ଖେଳଣା' କାର୍ଯ୍ୟକ୍ରମର ଆଭିମୁଖ୍ୟ ସ୍ପଷ୍ଟ କରିଥିଲେ।

# ଜଳସେବା କାର୍ଯ୍ୟକ୍ରମ ଉଦ୍‌ଘାଟିତ

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ଶ୍ରୀଜଗନ୍ନାଥ ଭକ୍ତ ସମାଜ, ପୁରୀ ଆନୁକୂଲ୍ୟରେ ଶ୍ରୀଲୋକନାଥ ମାର୍ଗ ଷଣ୍ଢଯାଗାଠାରେ ଅନୁଷ୍ଠାନର ସଭାପତି ଶଙ୍କର୍ଷଣ ମଙ୍ଗରାଜଙ୍କ ପୌରୋହିତ୍ୟରେ ଜଳସେବା କାର୍ଯ୍ୟକ୍ରମ ଉଦ୍‌ଘାଟିତ ହୋଇଯାଇଛି। ଶ୍ରୀମନ୍ଦିର ପୁରୋହିତ ପ୍ରଫେସର ପୂର୍ଣ୍ଣଚନ୍ଦ୍ର ମହାପାତ୍ର ଯୋଗଦେଇ ଜଳସେବାର ଗୁରୁତ୍ୱ ବିଷୟରେ ଆଲୋକପାତ କରିଥିଲେ। ସମ୍ପାଦକ ଡ. ଶଶିକାନ୍ତ ରଥ, ଅଧ୍ୟାପକ ଡ. ବଳରାମ ଦାଶ, ଡ. ପ୍ରଦୀପ ଚନ୍ଦ୍ର ଆଚାର୍ଯ୍ୟ, ସାମାଜିକ କର୍ମୀ ନୃସିଂହ ଚରଣ ସାହୁ, ସୁଶ୍ରୀ ପୁଷ୍ପିତା ପଟ୍ଟନାୟକ, ସଂଯୁକ୍ତା ମହାପାତ୍ର, କାର୍ତ୍ତିକ ସାହୁ, ଶିବପ୍ରସାଦ ସ୍ୱାଇଁ, ଓଁମ୍ ପ୍ରଧାନ, ମଧୁସୂଦନ ସାହୁ, ଲକ୍ଷ୍ମୀନାରାୟଣ ମିଶ୍ର ପ୍ରମୁଖ ଉପସ୍ଥିତ ରହି ସେବାକାର୍ଯ୍ୟରେ ସାହାଯ୍ୟ କରିଥିଲେ। ଏହି ସେବା ଗ୍ରୀଷ୍ମପ୍ରବାହ ଶେଷ ପର୍ଯ୍ୟନ୍ତ ଚାଲୁ ରହିବ ବୋଲି ଅନୁଷ୍ଠାନ ପକ୍ଷରୁ କୁହାଯାଇଛି।

# ନରେନ୍ଦ୍ର ପୁଷ୍କରିଣୀରୁ କଢ଼ାହେଲା ଚାପଡଙ୍ଗା

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ଚଳିତ ମାସ ୩୦ ତାରିଖରେ ଅକ୍ଷୟ ତୃତୀୟା। ପରମ୍ପରା ଅନୁଯାୟୀ, ଉକ୍ତ ଦିନଠାରୁ ମହାପ୍ରଭୁଙ୍କ ଘୋଷଯାତ୍ରା ନିମନ୍ତେ ରଥ ନିର୍ମାଣ କାର୍ଯ୍ୟ ଅନୁକୂଳ ହେବା ସହ ମହାପ୍ରଭୁଙ୍କ ୨୧ ଦିନ ବ୍ୟାପୀ ବାହାର ଚନ୍ଦନଯାତ୍ରା ଆରମ୍ଭ ହେବ। ଏଥିପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ବ୍ୟାପକ ପ୍ରସ୍ତୁତି ଚାଲିଛି। ଏହି ପରିପ୍ରେକ୍ଷୀରେ ଶ୍ରୀମନ୍ଦିର ପରମ୍ପରା ଅନୁଯାୟୀ, ଚୈତ୍ରପୂର୍ଣ୍ଣିମା ଅବସରରେ ଶନିବାର ନରେନ୍ଦ୍ର ପୁଷ୍କରିଣୀରୁ ଚାପଡଙ୍ଗା (ନନ୍ଦା ଓ ଭଦ୍ରା) ସହ ବୈଜୟନ୍ତୀ ଡଙ୍ଗାକୁ ପାଣିରୁ ଭୋଇସେବକମାନେ ବାହାର କରିଛନ୍ତି। ଏହି ଚାପଡଙ୍ଗାରେ ଚଳନ୍ତି ପ୍ରତିମା ଶ୍ରୀମଦନମୋହନ, ଶ୍ରୀରାମକୃଷ୍ଣ, ଶ୍ରୀଦେବୀ, ଭୂଦେବୀ ଏବଂ ଶ୍ରୀକ୍ଷେତ୍ରର ପଞ୍ଚମହାଦେବ ଭାବେ ପରିଚିତ ଶ୍ରୀଯମେଶ୍ୱର, ଶ୍ରୀଲୋକନାଥ, ଶ୍ରୀମାର୍କଣ୍ଡେୟ, ଶ୍ରୀକପାଳମୋଚନ, ଶ୍ରୀନୀଳକଣ୍ଠ ଅକ୍ଷୟତୃତୀୟାଠାରୁ ଭଉଁରି ଯାତ୍ରା ପର୍ଯ୍ୟନ୍ତ ୨୧ ଦିନ ଧରି ନରେନ୍ଦ୍ର ପୁଷ୍କରିଣୀରେ ନୌକାବିହାର କରିବେ। ଶନିବାର ଭୋଇ ସର୍ଦ୍ଦାର ରବି ଭୋଇଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଭୋଇସେବକମାନେ ପୁଷ୍କରିଣୀରୁ ଡଙ୍ଗୀ ବାହାର କରିଥିଲେ। ସକାଳ ୮ଟାରୁ ଡଙ୍ଗାକଢ଼ା କାର୍ଯ୍ୟ ଆରମ୍ଭହୋଇ ମଧ୍ୟାହ୍ନ ପ୍ରାୟ ସାଢ଼େ ୪ଟାରେ ସରିଥିଲା। ଏହି କାର୍ଯ୍ୟରେ ପ୍ରାୟ ୨୦ଜଣ ଭୋଇସେବକ ନିୟୋଜିତ ହୋଇଥିଲେ। ଭୋଇସେବକମାନେ ପୁଷ୍କରିଣୀରୁ ୫ଟି ଡଙ୍ଗାକୁ ବାହାର କରିଛନ୍ତି। ସେଗୁଡ଼ିକୁ ଖରାରେ ଶୁଖାଯିବା ପରେ ଯାଞ୍ଚ କରାଯାଇ ମରାମତି କରାଯିବ। ପରେ ଡଙ୍ଗାଗୁଡ଼ିକୁ ଯୋଡ଼ାଯାଇ ନନ୍ଦା, ଭଦ୍ରା ଚାପଡଙ୍ଗା ନିର୍ମାଣ କରାଯିବା ସହ ଗୋଟିଏ ବୈଜୟନ୍ତୀ ଡଙ୍ଗା ରହିବ। ନିର୍ମାଣ କାର୍ଯ୍ୟ ସମ୍ପନ୍ନ ହେବା ପରେ ଏଥିରେ ରଙ୍ଗ ଦିଆଯିବ ବୋଲି ନନ୍ଦିଘୋଷ ରଥର ମୁଖ୍ୟ ଭୋଇସେବକ କାର୍ତ୍ତିକ ଭୋଇ ସୂଚନା ଦେଇଛନ୍ତି।



ନରେନ୍ଦ୍ର ପୁଷ୍କରିଣୀରୁ ଚାପଡଙ୍ଗା କଢ଼ାଯାଉଛି । (ଫଟୋ-ଯଜ୍ଞେଶ୍ୱର ମହାନ୍ତି)

### କୃତୀ ଛାତ୍ର ସମ୍ବର୍ଦ୍ଧିତ

କଣାସ,୧୨।୪(ବିଭୂତି ଭୂଷଣ ତ୍ରିପାଠୀ)

କଣାସ ବ୍ଲକ ଗଡ଼ିଶାଗୋଡା ଥାନା ଅଧୀନ ନୂଆଗାଁଠାରେ ଏକ ସମ୍ବର୍ଦ୍ଧନା ଉତ୍ସବ ଶନିବାର ଅନୁଷ୍ଠିତ ହୋଇଯାଇଛି। ଶଶିକାନ୍ତ ପଟ୍ଟନାୟକଙ୍କ ସଭାପତିତ୍ୱରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ଜାତୀୟ ମେଧାବୃତ୍ତିରେ ଉତ୍ତୀର୍ଣ୍ଣ ଛାତ୍ରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଯାମଳଗୋଦାର ୨ ଛାତ୍ର ରୁଦ୍ର ପ୍ରତାପ ସ୍ୱାଇଁ ଓ ଆଦିତ୍ୟ ସ୍ୱାଇଁଙ୍କୁ ମାନପତ୍ର, ଉପଢୌକନ ପ୍ରଦାନ କରାଯାଇଥିଲା। ଦୀପକ ଭୁଜବଳ, ଚାରୁଲତା ପାଇକରାୟ ପ୍ରମୁଖ ଉପସ୍ଥିତ ଥିଲେ।

### ବାର୍ ଉପରେ ବୋମାମାଡ଼, ଜଣେ ଗିରଫ

ଅସ୍ତରଙ୍ଗ,୧୨।୪(ମମତା ଜେନା)

କାକଟପୁର ଥାନାଠାରୁ ୧ କି.ମି. ଦୂର ଏକ ବାର୍ ଉପରେ ଶୁକ୍ରବାର ସନ୍ଧ୍ୟାରେ କେତେଜଣ ଦୁର୍ବୃତ୍ତ ବୋମାମାଡ଼ କରିଛନ୍ତି। ଏହି ଘଟଣାରେ ପୋଲିସ ଜଣଙ୍କୁ ଗିରଫ କରି ଶନିବାର କୋର୍ଟ ଚାଲାଣ କରିଛି। ସେ ହେଲେ ଗୁଡୁ ସାହୁ। ଏନେଇ ପୋଲିସ ୭୭/୨୫ରେ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ଏହି ଘଟଣାରେ ଏକାଧିକ ଯୁବକ ସମ୍ପୃକ୍ତ ଥିବା ଆଇଆଇସି ଉମେଶ ଚନ୍ଦ୍ର ସାହୁ ପ୍ରକାଶ କରିଛନ୍ତି।

# 'ପ୍ରାଚୀନ ଐତିହ୍ୟ ହିଁ ଆମର ଗୌରବପୂର୍ଣ୍ଣ ପରିଚୟ'




ଉନ୍ମୋଚନ ହୋଇଥିବା ପ୍ରତିମୂର୍ତ୍ତି ।



ଅତିଥିଙ୍କ ଗହଣରେ ଅନୁଷ୍ଠାନର ସଦସ୍ୟମାନେ ।

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ଆମର ସୁସମୃଦ୍ଧ ପରମ୍ପରା ହେଉଛି ଖୁବ୍ ପ୍ରାଚୀନ। ଏହି ଗୌରବମୟ ପରମ୍ପରାର ସ୍ମାରକୀ ହେଉଛି ଆମର ଐତିହ୍ୟ ଏବଂ ତାହା ଆମର ପରିଚୟ ବୋଲି ପୁରୀ ଏମ୍‌ପି ଡା. ସମ୍ବିତ ପାତ୍ର କହିଛନ୍ତି। ପୁରୀର ପ୍ରାଚୀନ ଐତିହ୍ୟ ଶଙ୍କରାନନ୍ଦ ମଠର ପ୍ରତିଷ୍ଠାତା ଶ୍ରୀଶଙ୍କରାନନ୍ଦ ସ୍ୱାମୀଙ୍କ ପ୍ରତିମୂର୍ତ୍ତି ଉନ୍ମୋଚନ କାର୍ଯ୍ୟକ୍ରମରେ ଏମ୍‌ପି ପାତ୍ର ମୁଖ୍ୟ ଅତିଥି ଭାବେ ଯୋଗଦେଇ ଉପରୋକ୍ତ ବକ୍ତବ୍ୟ ପ୍ରଦାନ କରିଛନ୍ତି। ଏହି ମଠର ସ୍ୱାମୀ ତଥା ଶ୍ରୀଗୋବର୍ଦ୍ଧନ ପୀଠର ପ୍ରଥମ ଓଡ଼ିଆ ଶଙ୍କରାଚାର୍ଯ୍ୟ ଶ୍ରୀଧର ସ୍ୱାମୀ ଓ ବାଳବ୍ରହ୍ମାନନ୍ଦ ସ୍ୱାମୀଙ୍କ ପ୍ରତିମୂର୍ତ୍ତି ଅନାବରଣକରି ପାତ୍ର କହିଥିଲେ, ଏକାଥରେ ତିନିଜଣ ମହାପୁରୁଷଙ୍କ ପ୍ରତିମୂର୍ତ୍ତି ଅନାବରଣ କରିବାର ସୌଭାଗ୍ୟ ମତେ ଅଭିଭୂତ କରିଛି। ପୁରୀ ଧାମର ବହୁ ଐତିହ୍ୟ ଓ ସେଥିସହ ଜଡ଼ିତ ଅନେକ ମହାପୁରୁଷଙ୍କ ବିଷୟ ଅନାଲୋଚିତ ହୋଇରହିଛି। ସେଗୁଡିକ ଆଲୋଚନା ସ୍ତରକୁ ଆସିଲେ ଆମର ଗୌରବପୂର୍ଣ୍ଣ ଐତିହ୍ୟ ଜାତୀୟସ୍ତରରେ ପ୍ରତିଷ୍ଠିତ ହୋଇପାରିବ। ଐତିହ୍ୟର ବିକାଶ ପାଇଁ ସେ ସମସ୍ତଙ୍କ ସହଯୋଗ କାମନା କରିଥିଲେ। ମଠ ଟ୍ରଷ୍ଟ ବୋର୍ଡ ସଭାପତି ଡ. ଦୁର୍ଗାପ୍ରସାଦ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିଶିଷ୍ଟ ଅତିଥି ଭାବେ ପ୍ରାକ୍ତନ ସୂଚନା କମିଶନର ଜଗଦାନନ୍ଦ ଯୋଗଦେଇ ଲୋପହୋଇଯାଉଥିବା ଅଧ୍ୟାତ୍ମ ଐତିହ୍ୟ କେନ୍ଦ୍ରଗୁଡ଼ିକର ସୁରକ୍ଷା ପ୍ରତି ସଚେତନ ହେବାକୁ ଆହ୍ୱାନ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ ବିଧାୟକ ଜୟନ୍ତ କୁମାର ଷଡ଼ଙ୍ଗୀ ଯୋଗଦେଇ ଆମ ସଂସ୍କୃତିକୁ ଋଦ୍ଧିମନ୍ତ କରୁଥିବା ମହାପୁରୁଷମାନଙ୍କ ସ୍ମୃତିକୁ ସମାଜରେ ପୁନଃ ଉପସ୍ଥାପନା କରିବାର ସର୍ବଶ୍ରେଷ୍ଠ ପ୍ରୟାସ ହେଉଛି ସେମାନଙ୍କ ପ୍ରତିମୂର୍ତ୍ତି ଅନାବରଣ ବୋଲି କହିଥିଲେ। ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲାପାଳ ଡ. ଶରତ ଚନ୍ଦ୍ର ମହାପାତ୍ର ଯୋଗଦେଇ ଏଭଳି ପ୍ରୟାସ ଯୁବ ସମାଜକୁ ପ୍ରେରଣା ଦେବ ବୋଲି କହିଥିଲେ। ଶ୍ରୀ ଶାଶ୍ୱତାନନ୍ଦ ସରସ୍ୱତୀ ମଠ ପକ୍ଷରୁ ମଠର ବିକାଶ ପାଇଁ ସମସ୍ତଙ୍କ ସହଯୋଗ କାମନା କରାଯାଇଥିଲା। ମହୀପ୍ରକାଶ ମଠର ସ୍ୱାମୀ ଶୁଭାନନ୍ଦ ପୁରୀ ଓ କଟକୀ ମଠର ଡ. ବିଜୟ ରାମାନୁଜ ଦାସ ବକ୍ତବ୍ୟ ରଖିଥିଲେ। ଟ୍ରଷ୍ଟ ବୋର୍ଡର ସଭ୍ୟ ଐତିହ୍ୟ ବିଶାରଦ ଡ. ସୁରେନ୍ଦ୍ର କୁମାର ମିଶ୍ର ମହୋତ୍ସବର ଆଭିମୁଖ୍ୟ ସମ୍ପର୍କରେ ସୂଚନା ଦେଇଥିଲେ। ଡ. ମିଶ୍ର କହିଥିଲେ, ଶ୍ରୀଶଙ୍କରାନନ୍ଦ ସ୍ୱାମୀଙ୍କ ଲିଖିତ ଛ'ଖଣ୍ଡ ସଂସ୍କୃତ ପୁସ୍ତକ ଭାରତର ସମ୍ପଦ। ସେ ଶ୍ରୀମନ୍ଦିର ଓ କପିଳାସର ଶ୍ରୀଚନ୍ଦ୍ରଶେଖର ମନ୍ଦିରର ତତ୍ତ୍ୱାବଧାରକ ଥିଲେ। ସେ ମଠରେ ଶିକ୍ଷାନୁଷ୍ଠାନ ପ୍ରତିଷ୍ଠା କରି ବିଦ୍ୟାର୍ଥୀଙ୍କ ପାଇଁ ଆବାସିକ ବ୍ୟବସ୍ଥା କରିଥିଲେ। ଶିକ୍ଷାର ପ୍ରସାର ସହିତ ବୈଦିକ ପାଠଶାଳା, ଗୋଶାଳା, ଚିକିତ୍ସା ବ୍ୟବସ୍ଥାର ଶୁଭାରମ୍ଭ କରିଥିଲେ। ଶ୍ରୀଧର ସ୍ୱାମୀଙ୍କ ଶ୍ରୀମଦ୍ ଭାଗବତ ୧୪ଟି ଟୀକା ମଧ୍ୟରେ ଶ୍ରୀଧରଙ୍କ ଟୀକା ସର୍ବଶ୍ରେଷ୍ଠ ବୋଲି ଶ୍ରୀଚୈତନ୍ୟ କହିଥିଲେ। ସେ ଥିଲେ ପ୍ରଥମ ଓଡ଼ିଆ ଶଙ୍କରାଚାର୍ଯ୍ୟ ଏବଂ ଯୋଗର ପ୍ରଚାରପ୍ରସାର ପାଇଁ ମଠରେ ଶିକ୍ଷଣ ବ୍ୟବସ୍ଥା କରିଥିଲେ ବୋଲି ମିଶ୍ର ମତବ୍ୟକ୍ତ କରିଥିଲେ। ପ୍ରତିମୂର୍ତ୍ତି ନିର୍ମାଣର ଶିଳ୍ପୀ ରବି ରଥଙ୍କ ନିର୍ମାଣ ଶୈଳୀକୁ ସମସ୍ତେ ପ୍ରଶଂସା କରିଥିଲେ। ଟ୍ରଷ୍ଟ ସଭ୍ୟ ଅଶୋକ ମିଶ୍ର, ନାରାୟଣ ପଟ୍ଟନାୟକ, ଯାମିନକାନ୍ତ ମିଶ୍ର, ମିହିର କୁମାର ମିଶ୍ର, ସଦାଶିବ ସାହୁ ଏବଂ ଆଦିତ୍ୟ ମିଶ୍ର ମହୋତ୍ସବକୁ ପରିଚାଳନା କରିଥିଲେ। ଟ୍ରଷ୍ଟ ବୋର୍ଡର କାର୍ଯ୍ୟକାରୀ ଅଧିକାରୀ ତଥା ଅତିରିକ୍ତ ତହସିଲଦାର ଡ. ବିଭୂତି ଭୂଷଣ ଶତପଥୀ ସମସ୍ତଙ୍କୁ ପୁସ୍ତକ ଉପହାର ଦେବା ସହ ଧନ୍ୟବାଦ ଅର୍ପଣ କରିଥିଲେ।

**ସଂକ୍ଷେପରେ**

## ସରସ୍ୱତୀ ବିଦ୍ୟା ମନ୍ଦିରର ବାର୍ଷିକ ଉତ୍ସବ

ମଙ୍ଗୁଳି-ଜଗତପୁର,୧୨।୪(ମାନସ ସାମଲ)

ଟାଙ୍ଗୀ-ଚୌଦ୍ୱାର ବ୍ଲକ ଅଧୀନ ନପଙ୍ଗ ପଞ୍ଚାୟତସ୍ଥିତ ହାଟଶିଶୁଆ ସରସ୍ୱତୀ ଶିଶୁବିଦ୍ୟାମନ୍ଦିରର ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ବିଧାୟକ ପ୍ରଶାନ୍ତ କୁମାର ବେହେରା, ମୁଖ୍ୟବକ୍ତା ଚୌଦ୍ୱାର ବିଦ୍ୟୁତ୍ ବିଭାଗର ନିର୍ବାହୀଯନ୍ତ୍ରୀ ବିଶ୍ୱରଞ୍ଜନ ଦେହୁରୀ, ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ପୋଲିସ ଅଧିକାରୀ ଗୟାଧର ବେହେରା, ସାମାଜିକ କର୍ମୀ କୃଷ୍ଣଚନ୍ଦ୍ର ଦାସ, ସରପଞ୍ଚ ମମତା ମଲ୍ଲିକ, ପୂର୍ଣ୍ଣଚନ୍ଦ୍ର ରାଉତ, ବିଦ୍ୟାଳୟ ସଭାପତି ଶାନ୍ତନୁ କୁମାର ମିଶ୍ର, ସମ୍ପାଦକ ପୀତାମ୍ବର ମୁଦୁଲି, ସହସମ୍ପାଦକ ନିର୍ମଳ କୁମାର ବିଶ୍ୱାଳ, ସୁବାସ କୁମାର ବଳ ପ୍ରମୁଖ ଯୋଗଦେଇ ବକ୍ତବ୍ୟ ପ୍ରଦାନ କରିଥିଲେ। ପ୍ରଧାନ ଆଚାର୍ଯ୍ୟ ମମତା ନାୟକ ବିବରଣୀ ପାଠ କରିଥିଲେ। ଏହି ଅବସରରେ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ବିଦ୍ୟାଳୟର ଗୁରୁମା, ଗୁରୁଜୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ଟ୍ରମା ୱାର୍ଡ ବାରଣ୍ଡାରେ ରୋଗୀ ଚିକିତ୍ସା

କଟକ,୧୨।୪(ଶିଳ୍ପା ପ୍ରିୟଦର୍ଶିନୀ)



**ଏସ୍‌ସିବି ମେଡିକାଲରେ ଅବ୍ୟବସ୍ଥା**

**ବେଡ୍ ମିଳୁନି, କବାଟରେ ଝୁଲା ହୋଇଛି ସାଲାଇନ୍ ବୋତଲ**

ଏସ୍‌ସିବି ମେଡିକାଲ ଟ୍ରମା କାଜୁଆଲ୍‌ଟିରେ ଶନିବାର ଅବ୍ୟବସ୍ଥା ଦେଖିବାକୁ ମିଳିଛି। କାଜୁଆଲ୍‌ଟି ଟ୍ରମା ୱାର୍ଡର ବାହାର ବାରଣ୍ଡାରେ ରୋଗୀଙ୍କର ଚିକିତ୍ସା କରାଯାଉଥିବାବେଳେ ତାଙ୍କ ଶରୀରରେ ଲାଗିଥିବା ସାଲାଇନ ବୋତଲକୁ କବାଟରେ ଝୁଲାଇ ଦିଆଯାଇଛି। ଏହାକୁ ନେଇ ରୋଗୀଙ୍କ ସମ୍ପର୍କୀୟଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି।

ସୂଚନା ଅନୁଯାୟୀ, ଏସ୍‌ସିବି ମେଡିକାଲରେ ଗୋଟିଏ ଟ୍ରମା ଓ ଅନ୍ୟଟି ନନ୍‌ଟ୍ରମା କାଜୁଆଲ୍‌ଟି ରହିଛି। ଦୁର୍ଘଟଣାର ଶିକାର ହୋଇଥିବା ରୋଗୀ ପ୍ରାୟତଃ ଚିକିତ୍ସା ପାଇଁ ଟ୍ରମା କାଜୁଆଲ୍‌ଟିକୁ ଆସିଥାନ୍ତି। ଏଠାରେ ୩୪ଟି ବେଡ୍ ରହିଛି ଏବଂ ରୋଗୀ କାଜୁଆଲ୍‌ଟିରେ ପ୍ରାଥମିକ ଚିକିତ୍ସା କରାଇବା ପରେ ଆବଶ୍ୟକ ପଡିଲେ ତାଙ୍କୁ ଟ୍ରମା ୱାର୍ଡକୁ ସ୍ଥାନାନ୍ତର କରାଯାଇଥାଏ। ୫ ମହଲା ବିଶିଷ୍ଟ କୋଠାର ତଳଭାଗରେ କାଜୁଆଲ୍‌ଟି କାର୍ଯ୍ୟ କରୁଛି। ସେହିପରି କୋଠାର ପ୍ରଥମ ମହଲାରେ ଟ୍ରମା କେୟାର ସେଣ୍ଟର (ଟିସିସି)-୧, ଦ୍ୱିତୀୟ ମହଲାରେ ଟିସିସି-୨ ଓ ତୃତୀୟ ମହଲାରେ ଟିସିସି-୩ ୱାର୍ଡ କାର୍ଯ୍ୟକାରୀ କରୁଛି। ତେବେ ତିନୋଟି ମହଲାରେ ଥିବା ତିନୋଟି ଟିସିସିରେ ୨୦ଟି ଲେଖାଏ ବେଡ୍ ରହିଛି। ହେଲେ ମେଡିକାଲରେ ରୋଗୀଙ୍କ ସଂଖ୍ୟା ଅନୁଯାୟୀ କମ୍ ସଂଖ୍ୟକ ବେଡ୍ ରହିଛି।

କେନ୍ଦୁଝର ଜିଲା ଆନନ୍ଦପୁର ଅଞ୍ଚଳର ଚନ୍ଦ୍ରଶେଖର ସାହୁ ଦୁର୍ଘଟଣାର ଶିକାର ହୋଇ ଏସ୍‌ସିବି ମେଡିକାଲକୁ ଚିକିତ୍ସା ପାଇଁ ଆସିଛନ୍ତି। ହେଲେ ଏଠାରେ ବେଡ୍ ନ ଥିବାରୁ ୱାର୍ଡ ବାହାରେ ରହି ଚିକିତ୍ସିତ ହେଉଛନ୍ତି। ଏ ସମ୍ପର୍କରେ ତାଙ୍କ ସମ୍ପର୍କୀୟ କହିଛନ୍ତି, ପ୍ରବଳ ଗରମ ହେଉଥିଲେ ମଧ୍ୟ ରୋଗୀଙ୍କ ୱାର୍ଡ ବାହାରେ ରଖିଛୁ। ଏଥିସହ ଷ୍ଟାଣ୍ଡ ନ ଥିବାରୁ କବାଟରେ ସାଲାଇନ୍ ବୋତଲକୁ ଟାଙ୍ଗିଦିଆଯାଇଛି। ମେଡିକାଲ କର୍ତ୍ତୃପକ୍ଷ ରୋଗୀ ସଂଖ୍ୟା ଅନୁଯାୟୀ ବେଡ୍ ବ୍ୟବସ୍ଥା କରିବା ଆବଶ୍ୟକ ବୋଲି ସେ କହିଛନ୍ତି। ସେହିପରି ବାଲେଶ୍ୱର ଅଞ୍ଚଳର ଜଣେ ରୋଗୀଙ୍କ ସମ୍ପର୍କୀୟ ପରିଚୟ ଗୋପନ ରଖି କହିଛନ୍ତି, ପିଲାର ଚିକିତ୍ସା ପାଇଁ ୧୦ ଦିନ ହେବ ଏସ୍‌ସିବିରେ ରହିଛୁ। ହେଲେ ବେଡ୍ ମିଳିପାରିନାହିଁ। ଅବ୍ୟବସ୍ଥା ମଧ୍ୟରେ ୱାର୍ଡ ବାହାର ବାରଣ୍ଡାରେ ରୋଗୀ ସହ ପଡ଼ିରହିଛୁ। ଏ ସମ୍ପର୍କରେ ମେଡିକାଲ କୁଳସଚିବ ସୁବାସ ରାଏ କହିଛନ୍ତି, ବେଡ୍ ସଂଖ୍ୟାଠାରୁ ରୋଗୀ ସଂଖ୍ୟା ଢ଼େର ଅଧିକ ରହିଛି। ରୋଗୀ ଯେପରି ଚିକିତ୍ସା ସୁବିଧା ପାଇବେ ସେଥିପାଇଁ ସର୍ବଦା ଚେଷ୍ଟା କରିଆସୁଛି। ବେଡ୍ ପାଉ ନ ଥିବା ରୋଗୀଙ୍କୁ ତଳେ ରହିବା ପାଇଁ ସମସ୍ତ ଜିନିଷ ମେଡିକାଲ ପକ୍ଷରୁ ଯୋଗାଇ ଦିଆଯାଉଛି। ମେଡିକାଲର ସମ୍ପ୍ରସାରଣ କାର୍ଯ୍ୟ ଜାରି ରହିଛି ଏବଂ ସେଥିରେ ବେଡ୍ ସଂଖ୍ୟା ବଢ଼ିବ। ତେଣୁ ଏଭଳି ସ୍ଥିତି ଆଗାମୀ ଦିନରେ ଦେଖିବାକୁ ମିଳିବ ନାହିଁ ବୋଲି ରାଏ କହିଛନ୍ତି।

## କ୍ରିକେଟ: ବ୍ଲେଜିଂ ଫିନିକ୍ସ ବିଜୟୀ



କାର୍ଯ୍ୟକ୍ରମରେ ଅତିଥିଙ୍କଠାରୁ ଖେଳାଳି ପୁରସ୍କାର ଗ୍ରହଣ କରୁଛନ୍ତି।

କଟକ,୧୨।୪(କାର୍ତ୍ତିକ ସାହୁ)

ଅଷ୍ଟମରୁ ଦ୍ୱାଦଶ ଶ୍ରେଣୀର ଛାତ୍ରଙ୍କ ପାଇଁ ଏକଦିବସୀୟ କ୍ରିକେଟ୍ ଟୁର୍ନାମେଣ୍ଟ ଷ୍ଟିୱାର୍ଟ ପ୍ରିମିୟର ଲିଗ୍-୨୦୨୫ କଟକ ବାରବାଟୀ ଷ୍ଟାଡିୟମରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଷ୍ଟିୱାର୍ଟ ଡାଇନାମାଇଟସ, ଷ୍ଟିୱାର୍ଟ ଥଣ୍ଡରବୋଲ୍ଟ, ଷ୍ଟିୱାର୍ଟ ଜାଗୁଆର୍ସ ଏବଂ ବ୍ଲେଜିଂ ଫିନିକ୍ସ ଟିମ୍ ଅଂଶଗ୍ରହଣ କରିଥିଲେ। ପ୍ରଥମ ମ୍ୟାଚ୍‌ରେ ଷ୍ଟିୱାର୍ଟ ଥଣ୍ଡରବୋଲ୍ଟକୁ ଷ୍ଟିୱାର୍ଟ ଜାଗୁଆର୍ସ ପରାସ୍ତ କରିଥିଲା। ଦ୍ୱିତୀୟ ମ୍ୟାଚ୍‌ରେ ବ୍ଲେଜିଂ ଫିନିକ୍ସ ଏକ ସୁପର ଓଭର ମ୍ୟାଚ୍‌ରେ ଷ୍ଟିୱାର୍ଟ ଡାଇନାମାଇଟସକୁ ହରାଇ ଫାଇନାଲ ପାଇଁ ରୋମାଞ୍ଚ ସୃଷ୍ଟି କରିଥିଲା। ଫାଇନାଲ ମ୍ୟାଚ୍‌ରେ ବ୍ଲେଜିଂ ଫିନିକ୍ସ ଡବଲ ସୁପର ଓଭରରେ ଷ୍ଟିୱାର୍ଟ ଜାଗୁଆର୍ସକୁ ପରାସ୍ତ କରିଥିଲା। ଟୁର୍ନାମେଣ୍ଟର ସଫଳତା ପାଇଁ ପ୍ରିନ୍ସିପାଲ ଡି. ମାର୍ଟିନା ଏବଂ କ୍ରୀଡ଼ା ସଂଯୋଜକ ଶୁଭାଶିଷ ସାହୁଙ୍କ ନେତୃତ୍ୱ ଗୁରୁତ୍ୱପୂର୍ଣ୍ଣ ଥିଲା। ଅତିଥି ଭାବେ ଓଡ଼ିଶା ସିନିୟର ଦଳର ମୁଖ୍ୟ କୋଚ୍ ସୁରେନ୍ଦର ଭାବେ, ବିସିସିଆଇ ପ୍ୟାନେଲ ଅମ୍ପାୟର ତଥା ପୂର୍ବତନ ଓଡ଼ିଶା ଖେଳାଳି ଧୀରଜ ସିଂ, ଖେଳାଳି ମନୋଜ ଭଟ୍ଟ ଉପସ୍ଥିତ ରହି ଖେଳାଳିଙ୍କୁ ଉତ୍ସାହିତ କରିଥିଲେ। ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ଭାବେ ସୁଶୋଭିତ ସ୍ୱାଇଁ (ଷ୍ଟିୱାର୍ଟ ଜାଗୁଆର୍ସ), ଆର୍ଯ୍ୟନ ମହାପାତ୍ର (ବ୍ଲେଜିଂ ଫିନିକ୍ସ), ଶ୍ରେଷ୍ଠ ବ୍ୟାଟ୍ସମ୍ୟାନ ଭାବେ ହେରାଶ ଅଗ୍ରୱାଲ (ଷ୍ଟିୱାର୍ଟ ଥଣ୍ଡରବୋଲ୍ଟ), ଶ୍ରେଷ୍ଠ ବୋଲର ଭାବେ ନିଶାନ୍ତ ସୋନି (ଷ୍ଟିୱାର୍ଟ ଥଣ୍ଡରବୋଲ୍ଟ), ଶ୍ରେଷ୍ଠ ଫିଲ୍ଡର ଭାବେ ରାଜ ରାଜେଶ୍ୱର ପାତ୍ର (ଷ୍ଟିୱାର୍ଟ ଜାଗୁଆର୍ସ), ଶ୍ରେଷ୍ଠ ଉଇକେଟକିପର ଭାବେ ଆର୍ଯ୍ୟନ ବିଶାଳ (ବ୍ଲେଜିଂ ଫିନିକ୍ସ) ପୁରସ୍କୃତ ହୋଇଥିଲେ।

## ମା' ପୋଟଲେଇଙ୍କ ବାର୍ଷିକୋତ୍ସବ

ଚୌଦ୍ୱାର,୧୨।୩(ଆଶୁତୋଷ ଦାସ)

ଟାଙ୍ଗୀ-ଚୌଦ୍ୱାର ବ୍ଲକ ଅଧୀନ ପଦାଗାଁଠାରେ ମା' ପୋଟଲେଇଙ୍କ ବାର୍ଷିକ ଉତ୍ସବ ଓ ପାଣିଘାଟ ଯାତ୍ରା ଶନିବାର ଅନୁଷ୍ଠିତ ହୋଇଯାଇଛି। ସକାଳେ ମା'ଙ୍କ ନୀତିକାନ୍ତି ସରିବା ପରେ ବିଭିନ୍ନ ସ୍ଥାନରୁ ଆସିଥିବା ଶ୍ରଦ୍ଧାଳୁ ପାଖ ପୋଖରୀରୁ ଜଳ ଆଣି ମା'ଙ୍କୁ ଲାଗି କରିଥିଲେ। ଯାତ୍ରା ପରିଚାଳନା କମିଟି ସଭାପତି ଜୟନ୍ତ କୁମାର ମହାପାତ୍ର ଓ ସୁକାନ୍ତ କୁମାର ସ୍ୱାଇଁଙ୍କ ସମେତ ଗ୍ରାମବାସୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# କଟକରେ ବିସିଇର ସୁପରମିଟ୍



କଟକସ୍ଥିତ ଏକ ହୋଟେଲରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଉପସ୍ଥିତ ଉଦ୍ୟୋଗୀ, ପ୍ରାୟୋଜକ ଓ ସରକାରୀ ଅଧିକାରୀ।

ଭୁବନେଶ୍ୱର,୧୨।୪(ଅନୁରାଧା ମହାରଣା)

କଟକସ୍ଥିତ ଏକ ହୋଟେଲରେ ବିସିଇ ସୁପରମିଟ୍ ଶୀର୍ଷକ ଏକ କାର୍ଯ୍ୟକ୍ରମ ଶନିବାର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଡ. ସଞ୍ଜୟ ଚୌଧୁରୀ, ବିପିନ ସାହୁ, ବଦ୍ରି ନାରାୟଣ ସାମଲ, ଡ. ସେଖ୍ ଅବ୍‌ଦୁଲ ସମିମ୍, କମଲଜିତ ଦାସ, କମଲାକାନ୍ତ ସାହୁଙ୍କ ସମେତ ପିଆଇଆଇ ଫାର୍ମାସ୍ୟୁଟିକାଲ୍ସ, ମ୍ୟାକ୍ସୋ ଡିଟରଜେଣ୍ଟସ୍, ସ୍ୱାଇସ୍ ଅପ୍, ଫ୍ରଷ୍ଟି ଆଇସକ୍ରିମ୍, ସ୍ୱାଦିଷ୍ଟ ସ୍ୱାଇସେସ୍ ଭଳି ବ୍ରାଣ୍ଡର ନିର୍ଦ୍ଦେଶକ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିସିଇ କଟକର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ରୋନି ଏସ୍. ଦାସ ଏବଂ ସନ୍ତୋଷ କୁମାର ସାହୁ ପ୍ରମୁଖ ଉପସ୍ଥିତ ଥିଲେ। କ୍ଲବ୍ ସଭାପତି ସତ୍ୟସ୍ୱରୂପ ନନ୍ଦ, ଇଭେଣ୍ଟ ପ୍ରମୋଟର ରାକେଶ ଦଳାଇ, ଆୟୋଜକ କିଶୋର ହରଲାନି, ସହଆୟୋଜକ ପ୍ରଣତି ସାରଙ୍ଗୀ ଏବଂ ସୁଶ୍ରୀ ନିରଜିତା ମହାନ୍ତି କାର୍ଯ୍ୟକ୍ରମର ନେତୃତ୍ୱ ନେଇଥିଲେ।

## କଣ୍ଟେନର-ଟିପ୍ପର ମୁହାଁମୁହିଁ ଧକ୍କା: ୨ ଗୁରୁତର

ଖୁଣ୍ଟୁଣୀ,୧୨।୪(ସଚ୍ଚିଦାନନ୍ଦ ପଣ୍ଡା)

୫୫ ନମ୍ବର ଜାତୀୟ ରାଜପଥର ଖୁଣ୍ଟୁଣୀ ଥାନା ଅଧୀନ କଣ୍ଟାବନ୍ଧ ଓଭରବ୍ରିଜ୍ ଉପରେ ଶନିବାର ରାତି ପ୍ରାୟ ସାଢେ ୯ଟାରେ କଣ୍ଟେନର ଓ ଟିପର ମଧ୍ୟରେ ମୁହାଁମୁହିଁ ଧକ୍କା ହୋଇଛି। ଏଥିରେ କଣ୍ଟେନର ଚାଳକ ହରିୟାଣାର ସେକ୍ ମୁସ୍କାନ ଓ ହେଲ୍‌ପର ଗୁରୁତର ହୋଇଛନ୍ତି। ଚିକିତ୍ସା ଲାଗି ସେମାନଙ୍କୁ କଟକ ବଡ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। କଣ୍ଟେନରଟି ଢେଙ୍କାନାଳ ପଟୁ କଟକ ଅଭିମୁଖେ ଯାଉଥିବାବେଳେ ବିପରୀତ ଦିଗରୁ ଆସୁଥିବା ଟିପ୍ପର ସହିତ ଧକ୍କା ହୋଇଥିଲା। ଦୁର୍ଘଟଣାଗ୍ରସ୍ତ ଗାଡ଼ି ଦୁଇଟି ପ୍ରାୟ ୨ ଘଣ୍ଟା ପର୍ଯ୍ୟନ୍ତ ରାସ୍ତା ଉପରେ ଅଟକି ରହିବାରୁ ଗାଡ଼ି ଚଳାଚଳ ବାଧାପ୍ରାପ୍ତ ହୋଇଥିଲା। ରିପୋର୍ଟ ଲେଖାଯିବାବେଳକୁ ଖୁଣ୍ଟୁଣୀ ପୋଲିସ ଦୁର୍ଘଟଣାଗ୍ରସ୍ତ ଗାଡ଼ିକୁ ହଟାଇବା ପାଇଁ ଉଦ୍ୟମ ଜାରି ରଖିଛି।



ମା' ମଙ୍ଗଳା ପୂଜା କମିଟି ଗୋପାଳଜୀଉ ଲେନ୍ ମଠସାହି ପକ୍ଷରୁ ଅନୁଷ୍ଠିତ ଝାମୁଯାତ୍ରା।

## ବିଭିନ୍ନ ପ୍ରକଳ୍ପ ପରିଦର୍ଶନ କଲେ ପିସିସିଏଫ୍

ଖୁଣ୍ଟୁଣୀ,୧୨।୪(ସଚ୍ଚିଦାନନ୍ଦ ପଣ୍ଡା)

ରାଜ୍ୟ ପ୍ରଧାନ ମୁଖ୍ୟ ବନ ସଂରକ୍ଷକ (ପିସିସିଏଫ୍) ସୁରେଶ ପନ୍ଥ ଶନିବାର ଖୁଣ୍ଟୁଣୀ ବନାଞ୍ଚଳ ଗସ୍ତରେ ଆସି ବିଭିନ୍ନ ପ୍ରକଳ୍ପ ପରିଦର୍ଶନ କରିଛନ୍ତି। ଖୁଣ୍ଟୁଣୀ ବନାଞ୍ଚଳ ଅଧୀନ ଧୁରୁଷିଆ ଗ୍ରାମର ନଣ୍ଡା ପାହାଡ଼ରେ ଥିବା ଜମିରେ ସବୁଜିମା କ୍ଷେତ୍ର ବୁଲି ଦେଖିଥିଲେ। ଏଠାରେ ଥିବା ଅନ୍ୟ ପଡିଆରେ ଆସନ୍ତାବର୍ଷ ପର୍ଯ୍ୟାପ୍ତ ବନୀକରଣ ହେବ ବୋଲି ସେ ପ୍ରତିଶ୍ରୁତି ଦେଇଥିଲେ। ପରେ ପନ୍ଥ ଜାତୀୟ ରାଜପଥ ପାର୍ଶ୍ୱ ବାଳୀ-ବଉଳଠାରେ ହାତୀଙ୍କ ଯାତାୟାତ ପାଇଁ ନିର୍ମାଣ ହେଉଥିବା ଗଳାପୋଲ ଦେଖିଥିଲେ। ବନ୍ୟପ୍ରାଣୀ ଓ ଶିକାରୀଙ୍କ ଗତିବିଧି ଉପରେ ନଜର ରଖିବା ନିମନ୍ତେ ବନ ବିଭାଗ ପକ୍ଷରୁ ଓରନ୍ଦାସ୍ଥିତ ଶ୍ରୀଜଗନ୍ନାଥ ନିମ୍ବ ବାଟିକା ପାହାଡ଼ ଉପରେ ନିର୍ମିତ ୱାଚ୍ ଟାୱାର ଦେଖିଥିଲେ। ହାତୀମାନେ ଜନବସତି ମୁହାଁ ନ ହେବାକୁ ପୁରୁଷୋତ୍ତମପୁରଠାରେ ବନବିଭାଗ ପକ୍ଷରୁ ଖୋଳାଯାଇଥିବା ସୁଦୀର୍ଘ ଟ୍ରେଞ୍ଚ୍ ସେ ବୁଲି ଦେଖିଥିଲେ। ପନ୍ଥଙ୍କ ଏହି ଗସ୍ତ କାର୍ଯ୍ୟକ୍ରମରେ ଅନୁଗୋଳ ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷଣ ସୁଧାଂଶୁ ଶେଖର ଖୋରା, ଆଠଗଡ଼ ଡିଏଫ୍‌ଓ ଡ. ଯଜ୍ଞଦତ୍ତ ପତି, ଏସିଏଫ୍ ଚିଟ୍ଟିଲିଚି ବିଶ୍ୱାଳ, ଖୁଣ୍ଟୁଣୀ ବନାଞ୍ଚଳ ଅଧିକାରୀ ନୀଳମାଧବ ସାହୁ, ଏସିଏଫ୍ ମନୋଜ ପାତ୍ରଙ୍କ ସହିତ ବିଭାଗୀୟ କର୍ମଚାରୀ ଏବଂ ସ୍ଥାନୀୟ ଜଙ୍ଗଲ କମିଟିର ସଦସ୍ୟ ଉପସ୍ଥିତ ରହିଥିଲେ।

## ସୁନା ମୂଲ୍ୟ ବୃଦ୍ଧି ପରେ କମୁଛି କ୍ରୟ

କଟକ,୧୨।୪(କାର୍ତ୍ତିକ ସାହୁ)

ସୁନା ଦର କ୍ରମାଗତ ବଢ଼ିଚାଲିଛି। ଗତ କିଛିଦିନର ବର୍ଦ୍ଧିତ ସୁନାଦର ସବୁ ରେକର୍ଡକୁ ଭାଙ୍ଗି ଦେଇଛି। ଆଗାମୀ ଦିନରେ ଏହି ଦର ଆହୁରି ବୃଦ୍ଧି ପାଇବ ବୋଲି କୁହାଯାଉଛି। ସୁନାର ଏଭଳି ମୂଲ୍ୟ ବୃଦ୍ଧି ଫଳରେ ଗ୍ରାହକଙ୍କ ସଂଖ୍ୟା କମିବାରେ ଲାଗିଛି। ଅପରପକ୍ଷରେ ସୁନା ଦର ୧୦ ଗ୍ରାମ୍‌କୁ ୬୦ ହଜାର ଟଙ୍କା ତଳକୁ ଖସିଯିବ ବୋଲି ବିଭିନ୍ନ ଗଣମାଧ୍ୟମରେ ପ୍ରଚାର ଚାଲିଛି। ଏହି ପ୍ରଚାରରେ ପ୍ରଭାବିତ ହୋଇ ବହୁ ଲୋକ ନିଜ ପାଖରେ ରଖିଥିବା ସୁନା ବିକ୍ରି କରୁଥିବା ଦେଖିବାକୁ ମିଳିଛି। ଅଳଙ୍କାର ବ୍ୟବସାୟୀ ସ୍ୱର୍ଣ୍ଣ ଅଳଙ୍କାର ବିକ୍ରି କରିବା ବଦଳରେ ଲୋକଙ୍କଠାରୁ ସୁନା କିଣୁଛନ୍ତି। ସ୍ୱର୍ଣ୍ଣ ଅଳଙ୍କାର ବିକ୍ରି ହ୍ରାସ ପାଉଥିବାରୁ ଚିନ୍ତାରେ ପଡ଼ିଛନ୍ତି ଅଳଙ୍କାର ବ୍ୟବସାୟୀ। ମାତ୍ର କେତେକ କାରଣ ପାଇଁ ଆଗକୁ ସୁନା ଦର ବଢ଼ିବ ବୋଲି ଅଲ୍ ଓଡ଼ିଶା ଜୁଏଲର୍ସ ଆସୋସିଏଶନ୍‌ସ ପକ୍ଷରୁ ଦାବି କରାଯାଇଛି।

ସୂଚନାନୁସାରେ, ୨୨ କ୍ୟାରେଟ୍ ସୁନା ୧୦ ଗ୍ରାମ୍ ପିଛା ସାଢ଼େ ୪ ହଜାର ଟଙ୍କା ପୂର୍ବରୁ ବଢ଼ିଥିବାବେଳେ ଗତ ୯ ତାରିଖରେ ପୁଣି ୨୭୦୦ ଟଙ୍କା ବଢ଼ିଛି। ଚଳିତବର୍ଷ ଜାନୁଆରୀରେ ୨୨ କ୍ୟାରେଟ୍ ସୁନା ଦର ୭୧,୫୦୦ ଟଙ୍କା ଥିଲା। ମାତ୍ର ଏପ୍ରିଲରେ ଏହି ଦର ୧୬,୦୦୦ ଟଙ୍କା ବଢ଼ିବାରୁ ସୁନା ୧୦ ଗ୍ରାମ୍ ପ୍ରତି ୮୭,୦୦୦ ଟଙ୍କା ଉପରେ ରହିଛି। ସୁନାଦର ବଢ଼ିବାକୁ ନେଇ ଗ୍ରାହକଙ୍କଠାରୁ ଆରମ୍ଭ କରି ଅଳଙ୍କାର ବ୍ୟବସାୟୀମାନେ ଆଶଙ୍କାରେ ପଡ଼ିଛନ୍ତି। ଏହାଦ୍ୱାରା ବ୍ୟବସାୟ ପ୍ରଭାବିତ ହେଉଥିବା ଅନେକେ ମତ ଦେଇଛନ୍ତି। ଇତିମଧ୍ୟରେ ସୁନା ଦର କମିବା ନେଇ ବିଶେଷଜ୍ଞମାନେ ମତ ଦେଇଥିବା ବିଭିନ୍ନ ଗଣମାଧ୍ୟମରେ ପ୍ରକାଶ ପାଇଛି। ତେବେ ଏଭଳି ଖବର ଭୁଲ୍ ବୋଲି କହିଛନ୍ତି ରାଧାଗୋବିନ୍ଦ ରାୟ ଗ୍ରାଣ୍ଡସନ ଜୁଏଲର୍ସର ପରିଚାଳନା ସହଯୋଗୀ ତଥା ଅଲ୍ ଓଡ଼ିଶା ଜୁଏଲର୍ସ ଆସୋସିଏଶନ୍‌ସର ସମ୍ପାଦକ ସୌରଭ ରାୟ। ବିଶେଷକରି ଆମେରିକା ଓ ଚାଇନା ମଧ୍ୟରେ ଚାଲିଥିବା ବ୍ୟବସାୟିକ ଯୁଦ୍ଧ, ଆମେରିକା ବିଭିନ୍ନ ଦେଶ ଉପରେ ୧୪୫ ପ୍ରତିଶତ ଶୁଳ୍କ ଲଗାଇବା, ଚାଇନା ଅଧିକ ପରିମାଣରେ ସୁନା କିଣିବା, କେନ୍ଦ୍ରୀୟ ବ୍ୟାଙ୍କଗୁଡ଼ିକ ସୁନା କିଣିବାରେ ଅଧିକ ଟଙ୍କା ନିବେଶ କରିବା, ଦେଶ ଦେଶ ମଧ୍ୟରେ ଚାଲିଥିବା ବିବାଦ, ଡଲାରର ମୂଲ୍ୟ ଟଙ୍କାଠାରୁ ଅଧିକ ରହିବା ଆଦି କାରଣରୁ ସୁନାଦର ଲଗାତର ଭାବେ ବଢୁଛି। ଆଗାମୀ ଦିନରେ ସୁନା ଦର ଆହୁରି ବଢ଼ିବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

# ଶପଥ ନେଲେ ଆଠଗଡ଼ ବାର୍ ଆସୋସିଏଶନର ନିର୍ବାଚିତ କର୍ମକର୍ତ୍ତା

ଖୁଣ୍ଟୁଣୀ, ୧୨।୪(ସଚ୍ଚିଦାନନ୍ଦ ପଣ୍ଡା)




କାର୍ଯ୍ୟକ୍ରମରେ ଆଠଗଡ଼ ବାର୍ ଆସୋସିଏଶନର ନିର୍ବାଚିତ କର୍ମକର୍ତ୍ତା ଓ ଅନ୍ୟମାନେ।

ଆଠଗଡ଼ ବାର୍ ଆସୋସିଏଶନର ନବ ନିର୍ବାଚିତ କର୍ମକର୍ତ୍ତାଙ୍କର ଶପଥ ଗ୍ରହଣ ଉତ୍ସବ ବାର୍ କାଉନ୍‌ସିଲ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ନିର୍ବାଚନ ଅଧିକାରୀ ଆଇନଜୀବୀ ଅରୁଣ କୁମାର ମହାନ୍ତିଙ୍କ ପରିଚାଳନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସଭାପତି ଜଗଦାନନ୍ଦ ତ୍ରିପାଠୀ, ଉପସଭାପତି ସୁବାସ ଚନ୍ଦ୍ର ସାହୁ, ସାଧାରଣ ସମ୍ପାଦକ ବନବିହାରୀ ସାହୁ, ଯୁଗ୍ମ ସମ୍ପାଦକ ପ୍ରମଥେଶ ପ୍ରିୟଦର୍ଶୀ, ସହ ସମ୍ପାଦକ ଶ୍ରୀନିବାସ ଦାସ, କୋଷାଧ୍ୟକ୍ଷ ସୁଜିତ ପଟ୍ଟନାୟକ ଏବଂ କାର୍ଯ୍ୟକାରୀ କମିଟିର ଅଚ୍ୟୁତାନନ୍ଦ ପଣ୍ଡା ଓ ରାଜେନ୍ଦ୍ର ନାରାୟଣ ମହାପାତ୍ର ପ୍ରମୁଖ ଶପଥ ଗ୍ରହଣ କରିଥିଲେ। ନିର୍ବାଚିତ ସଦସ୍ୟମାନଙ୍କୁ ଆଠଗଡ଼ ବାର୍ କାଉନ୍‌ସିଲ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ବରିଷ୍ଠ ଆଇନଜୀବୀ ପ୍ରାଣକୃଷ୍ଣ ଦାଶ, ପ୍ରତାପ ଚନ୍ଦ୍ର ରାଉତରାୟ, ଶରତ ଚନ୍ଦ୍ର ଦାସ, ଶ୍ରୀନାଥ ରଥ, ହିମାଂଶୁ ମହାନ୍ତି, ସିଦ୍ଧାର୍ଥ ବର୍ମା, ଶକ୍ତିଦତ୍ତ ପଟ୍ଟନାୟକ, ପ୍ରମୋଦ କୁମାର ଜେନା, ସୁଶାନ୍ତ କିମାର ମିଶ୍ର ଓ ପ୍ରତାପ କୁମାର ପଟ୍ଟନାୟକଙ୍କ ସମେତ ୮୦ରୁ ଉର୍ଦ୍ଧ୍ୱ ଆଇନଜୀବୀ ଉପସ୍ଥିତ ଥିଲେ।

## ମାଟି ତଳେ କେବୁଲ ଫାଟି ବିଦ୍ୟୁତ୍ ସରବରାହ ବ୍ୟାହତ

କଟକ ସଦର,୧୨।୪(ସୁଶାନ୍ତ କୁମାର ଜେନା)

କଟକ ସଦର ବ୍ଲକ ଅଧୀନ ମଉଗଜପୁର ଜାଇକା ପ୍ରକଳ୍ପ ନିକଟରେ ମାଟି ତଳେ ଯାଇଥିବା ବିଦ୍ୟୁତ୍ କେବୁଲ ଫାଟିବା ଯୋଗୁ ଶନିବାର ଭୋର ୪ଟାରୁ କନ୍ଦରପୁର ଓ କିଶନ ନଗର ଅଞ୍ଚଳରେ ବିଦ୍ୟୁତ୍ ସରବରାହ ବ୍ୟାହତ ହୋଇଥିଲା। ଏଥିସହ ପାନୀୟ ଜଳ ଯୋଗାଣ ବନ୍ଦ ରହିଥିଲା। ଗ୍ରୀଷ୍ମପ୍ରବାହ ସାଙ୍ଗକୁ ବିଦ୍ୟୁତ୍ ସମସ୍ୟା ଲୋକଙ୍କୁ ଅତିଷ୍ଠ କରିଥିଲା। ରାତି ୭ଟାରେ ଅସ୍ଥାୟୀ ଭାବେ ସିଆର୍‌ଆର୍‌ଆଇ ୩୩ କେଭି ଫିଡରରୁ ସାମୟିକ ବିଦ୍ୟୁତ୍ ଯୋଗାଣ କରାଯାଇଥିବା ଜଣାପଡିଛି। ସୂଚନାଯୋଗ୍ୟ, କନ୍ଦରପୁର ସବ୍‌ଷ୍ଟେଶନକୁ ବିକଳ୍ପ ବିଦ୍ୟୁତ୍ ସରବରାହ ବ୍ୟବସ୍ଥା ନ ଥିବାରୁ ଅନେକ ସମୟରେ ଉପଭୋକ୍ତାମାନେ ହନ୍ତସନ୍ତ ହେଉଛନ୍ତି। ତୁରନ୍ତ ବିଭାଗୀୟ କର୍ତ୍ତୃପକ୍ଷ ଏଥିପ୍ରତି ଦୃଷ୍ଟି ଦେବା ପାଇଁ ଦାବି ହେଉଛି।

# 'ସାହିତ୍ୟ ସର୍ବଦା ଜଗତର ଉନ୍ନତି କାମନା କରେ'

କଟକ,୧୨।୪(କାର୍ତ୍ତିକ ସାହୁ)

ପ୍ରଜାତନ୍ତ୍ର ପ୍ରଚାର ସମିତି ତରଫରୁ ପ୍ରଜାତନ୍ତ୍ର ପରିସରସ୍ଥ ବିଷୁବ ମଣ୍ଡପରେ ୭୬ତମ ବିଷୁବ ମିଳନ ଶନିବାର ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ପଦ୍ମଭୂଷଣ ଡ. ପ୍ରତିଭା ରାୟ ଯୋଗଦେଇ କହିଛନ୍ତି, ସାହିତ୍ୟ ସର୍ବଦା ଜଗତର ଉନ୍ନତି କାମନା କରେ। ସାହିତ୍ୟ ହିଁ ଜୀବନର ଦୁଃଖଯାତନାକୁ ଅମୃତରେ ପରିଣତ କରିପାରେ। ସାହିତ୍ୟ ଯୁଗେଯୁଗେ ପ୍ରେମମୟ ଓ ମଙ୍ଗଳମୟ ବୋଲି ସେ କହିଛନ୍ତି। ସେହିପରି ମୁଖ୍ୟ ଅତିଥି ହିନ୍ଦୀ ସାହିତ୍ୟର ପ୍ରଖ୍ୟାତ ସାହିତ୍ୟିକା ଡକ୍ଟର ସୂର୍ଯ୍ୟବାଳା କହିଛନ୍ତି, ସବୁ ଦିଗରୁ ଆସୁଥିବା ଉତ୍କୃଷ୍ଟ ବିଚାରକୁ ସାହିତ୍ୟିକମାନେ ସ୍ୱାଗତ କରିବା ଉଚିତ୍। ପ୍ରଜାତନ୍ତ୍ର ପ୍ରଚାର ସମିତି ଅଧ୍ୟକ୍ଷ ତଥା 'ଝଙ୍କାର'ର ମୁଖ୍ୟ ସମ୍ପାଦକ ଭର୍ତ୍ତୃହରି ମହତାବ କହିଛନ୍ତି, ୧୯୫୦ ମସିହାରୁ ନିରବଚ୍ଛିନ୍ନ ଭାବେ ବିଷୁବ ମିଳନ ଏକ ସାରସ୍ୱତ ଉତ୍ସବ ରୂପେ ପାଳିତ ହୋଇଆସୁଛି। ସାହିତ୍ୟର ସବୁ ଦିଗ ଉଦ୍‌ଭାସିତ ହୋଇଥିଲେ ମଧ୍ୟ ଅଧୁନା ନାଟକ କ୍ଷେତ୍ର ଅବହେଳିତ। ବର୍ତ୍ତମାନର ସମସ୍ୟାକୁ ଚାହିଁ ଅଧିକ ନାଟକ ରଚନା ହେବା ଉଚିତ୍। ପ୍ରଫେସର ଡ. ବୈଷ୍ଣବ ଚରଣ ସାମଲ ଅଧ୍ୟକ୍ଷତା କରି ଡକ୍ଟର ହରେକୃଷ୍ଣ ମହତାବଙ୍କ 'ଝଙ୍କାର' ପତ୍ରିକା ସାହିତ୍ୟିକଙ୍କ ଅନୁଶୀଳନ ବୋଲି ଉଲ୍ଲେଖ କରିଥିଲେ। ପ୍ରଫେସର ଡ. ବାବାଜୀ ଚରଣ ପଟ୍ଟନାୟକ ଅତିଥି ପରିଚୟ ଓ କଥାକାର ତରୁଣ କୁମାର ସାହୁ ଧନ୍ୟବାଦ ଦେଇଥିଲେ।



ବିଷୁବ ମଣ୍ଡପରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପଦ୍ମଭୂଷଣ ଡ. ପ୍ରତିଭା ରାୟ ଉଦ୍‌ବୋଧନ ଦେଉଛନ୍ତି।

# ବିଧାନସଭାରେ ଉପସ୍ଥାପନ ହେବ ପେନ୍‌ସନରଙ୍କ ସମସ୍ୟା



ସାରଳା ଭବନରେ ଅନୁଷ୍ଠିତ ସମ୍ମିଳନୀରେ ଯୋଗଦେଇଥିବା ଅତିଥିବୃନ୍ଦ।

କଟକ,୧୨।୪(କାର୍ତ୍ତିକ ସାହୁ)

**ଓଡ଼ିଶା ରାଜ୍ୟ ଅବସରପ୍ରାପ୍ତ କର୍ମଚାରୀ ମହାସଂଘର ୬ଷ୍ଠ ରାଜ୍ୟ ସମ୍ମିଳନୀ**

ଓଡ଼ିଶା ରାଜ୍ୟ ଅବସରପ୍ରାପ୍ତ କର୍ମଚାରୀ ମହାସଂଘର ୬ଷ୍ଠ ରାଜ୍ୟ ସମ୍ମିଳନୀ କଟକ ସାରଳା ଭବନରେ ଶନିବାର ଅନୁଷ୍ଠିତ ହୋଇଯାଇଛି। କର୍ମଚାରୀ ନେତା ତଥା ସ୍ତମ୍ଭକାର ଦୁର୍ଗାଚରଣ ନାୟକ ଏହାକୁ ଉଦ୍‌ଘାଟନ କରିଥିଲେ। ମହାସଂଘ ଅଧ୍ୟକ୍ଷ ପ୍ରତାପ ଚନ୍ଦ୍ର ଦାସଙ୍କ ସଭାପତିତ୍ୱରେ ଆୟୋଜିତ ସମ୍ମିଳନୀରେ ରାଜ୍ୟର ୧୧୨ଟି ଶାଖା ସଂଘରୁ ପ୍ରତିନିଧି ଯୋଗଦେଇଥିଲେ। ଅଭ୍ୟର୍ଥନା କମିଟି ଅଧ୍ୟକ୍ଷା ତଥା ବିଧାୟିକା ସୋଫିଆ ଫିର୍ଦ୍ଦୋସ ପେନ୍‌ସନ୍‌ରମାନଙ୍କ ଗମ୍ଭୀର ସମସ୍ୟାଗୁଡ଼ିକୁ ବିଧାନସଭାରେ ଉତ୍ଥାପନ କରିବା ସହ ବିଧାୟକ ପାଣ୍ଠିରୁ ଏକ ପାଠାଗାର କରିବାକୁ ପ୍ରତିଶ୍ରୁତି ଦେଇଥିଲେ। ମୁଖ୍ୟବକ୍ତା ବୃହସ୍ପତି ସାମଲ ଓ ସମ୍ମାନିତ ବକ୍ତା ଅଭୟ କୁମାର ଦାସ ମାର୍ଚ୍ଚ ୨୫ରେ ପାର୍ଲାମେଣ୍ଟରେ ଗୃହୀତ ସଂଶୋଧିତ ଧାରାକୁ ମିଳିତ ଭାବେ ପ୍ରତିବାଦ ଓ ପ୍ରତିରୋଧ କରିବାକୁ ଆହ୍ୱାନ ଦେଇଥିଲେ। ପିଜିପିଏ ବିଭାଗର ପୁନଃ ପ୍ରତିଷ୍ଠା, ୬୫ବର୍ଷରୁ ଅତିରିକ୍ତ ପେନ୍‌ସନ୍, କମ୍ୟୁଟେଶନ ଦେୟ ୧୦ବର୍ଷ ୮ମାସ କରିବା ଆଦି ୯ଦଫା ଦାବି ଉପରେ ଆଧାରିତ ସମ୍ପାଦକଙ୍କ ରିପୋର୍ଟ ଉପରେ ଆଲୋଚନା ହୋଇଥିଲା। ଏହି ଅବସରରେ ୪୪ ଜଣିଆ କର୍ମକର୍ତ୍ତା ମଣ୍ଡଳୀରେ ପ୍ରତାପ ଚନ୍ଦ୍ର ଦାସ ଅଧ୍ୟକ୍ଷ, ଗୋକୁଳାନନ୍ଦ ବେହେରା ମହାସଚିବ, କେଦାରନାଥ ସ୍ୱାଇଁ କୋଷାଧ୍ୟକ୍ଷ ଓ ଗଦାଧର କର ସମୀକ୍ଷକ ଭାବେ ମନୋନୀତ ହୋଇଥିବା ସୂଚନା ଦିଆଯାଇଛି।

## ସଂକ୍ଷେପରେ

### ଜେସିବି ଧକ୍କାରେ ବାଇକ୍ ଆରୋହୀ ମୃତ

**ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ):** ୧୬ନମ୍ବର ଜାତୀୟ ରାଜପଥର ପିତାପଲୀଠାରେ ଶୁକ୍ରବାର ରାତିରେ ଏକ ଜେସିବି ଧକ୍କାରେ ଜଣେ ବାଇକ୍ ଆରୋହୀଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ମୁକୁନ୍ଦପ୍ରସାଦ ଦଧିବାମନସାହିର ସୁଶାନ୍ତ କୁମାର ପ୍ରଧାନ ଓରଫ ଜିତୁ। ଶିଳ୍ପାଞ୍ଚଳ ପୋଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ସୂଚନା ମୁତାବକ, ପିତାପଲୀ ପଟୁ ଖୋର୍ଦ୍ଧା ଅଭିମୁଖେ ସୁଶାନ୍ତ ସବ୍‌ରୋଡରେ ଖାଇବା ନେଇ ଯାଉଥିଲେ। ଏହି ସମୟରେ ସମ୍ମୁଖରୁ ଆସୁଥିବା ଏକ ଜେସିବି ତାଙ୍କୁ ଧକ୍କା ଦେଇଥିଲା। ଗୁରୁତର ଅବସ୍ଥାରେ ତାଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ୍ୟୁ ଘୋଷଣା କରିଥିଲେ। ଏନେଇ ଥାନାରେ ଏକ ମାମଲା (ନଂ. ୮୮/୨୫) ରୁଜୁ ହୋଇଛି ବୋଲି ଥାନା ଅଧିକାରୀ ଗାୟତ୍ରୀ ମିଶ୍ର କହିଛନ୍ତି।

### ସେକ୍ଟରସ୍ତରୀୟ ପୋଷଣ ପକ୍ଷ ପାଳନ ଉତ୍ସବ

**ବେଗୁନିଆ,୧୨।୪(ସନ୍ଧ୍ୟାରାଣୀ ମିଶ୍ର):** ବେଗୁନିଆ ବ୍ଲକ ଅନ୍ତର୍ଗତ ଦେଉଳି ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ସେକ୍ଟରସ୍ତରୀୟ ପୋଷଣ ପକ୍ଷ ପାଳନ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ବେଗୁନିଆ ଥାନା ଅଧିକାରୀ ଜ୍ୟୋତି ପ୍ରକାଶ ପଣ୍ଡା ମୁଖ୍ୟ ଅତିଥି, ଜିଲା ବନ ବିଭାଗ ରେଞ୍ଜର ଜୟକୃଷ୍ଣ ପଣ୍ଡା ମୁଖ୍ୟ ବକ୍ତା, ସରପଞ୍ଚ ଅକ୍ଷୟ ରାଉତରାୟ, ଅଙ୍ଗନୱାଡି ସୁପରଭାଇଜର କସ୍ତୁରୀ ବେହେରା ପ୍ରମୁଖ ଯୋଗଦେଇ ପୋଷଣଯୁକ୍ତ ଖାଦ୍ୟ ଦ୍ୱାରା ଶରୀରରେ ଶକ୍ତି ବୃଦ୍ଧି ସହ ସୁସ୍ଥତା ପ୍ରଦାନରେ ସହାୟକ ହୋଇଥାଏ ବୋଲି ମତପ୍ରକାଶ କରିଥିଲେ।

### ଶ୍ରୀରାମ ମନ୍ଦିର ନିର୍ମାଣ ପାଇଁ ଶୁଭଦିଆଗଲା

**ବୋଲଗଡ଼,୧୨।୪(ଦେବବ୍ରତ ହୋତା):** ବୋଲଗଡ଼ ଖୋଲବନ୍ଧ ନିକଟ ହନୁମାନ ବାଟିକାଠାରେ ରାମମନ୍ଦିର ନିର୍ମାଣ ପାଇଁ ଶୁଭ ଦିଆଯାଇଛି। ବଜରଙ୍ଗ ଦଳ ପକ୍ଷରୁ ବଣଜଙ୍ଗଲଘେରା ପ୍ରାକୃତିକ ମନୋରମ ପରିବେଶରେ ହନୁମାନଙ୍କ ବିଗ୍ରହ ପ୍ରତିଷ୍ଠା କରାଯାଇ ପୂଜାର୍ଚ୍ଚନା ହୋଇଆସୁଥିବା ବେଳେ ଶନିବାର ବଜରଙ୍ଗ ଦଳ ଏବଂ ଗୋରକ୍ଷା ସମିତି ପକ୍ଷରୁ ଜୟନ୍ତୀ ଉତ୍ସବ ପାଳନ କରାଯାଇଛି। ତେବେ ପବିତ୍ର ଶ୍ରୀରାମ ନବମୀ ଉତ୍ସବ ପାଳନ ଅବସରରେ ଏମ୍‌ପିଙ୍କ ପ୍ରତିନିଧି ପ୍ରକାଶ ବିଜୁଳି ଏବଂ ରବୀନ୍ଦ୍ର ସୁବୁଦ୍ଧି ବୋଲଗଡ଼ ସଦର ମହକୁମାରେ ରାମମନ୍ଦିର ନିର୍ମାଣ ପାଇଁ ପ୍ରତିଶ୍ରୁତି ଦେଇଥିଲେ। ଏଥିମୁତାବକ ଜିଲା ଗୋରକ୍ଷା ପ୍ରମୁଖ ମୁକେଶ ସମନ୍ତରାୟ, ପ୍ରଖଣ୍ଡ ସଂଯୋଜକ ଇତେଶ କୁମାର ବେହେରା, ଲୋକଜିତ ପରିଡ଼ା, ସରୋଜ ଜେନା, ତରୁଣ ସାହୁ, ଅମ୍ଳାନଜ୍ୟୋତି ସାହୁ ପ୍ରମୁଖଙ୍କ ସମେତ ବଜରଙ୍ଗ ଦଳର ଶତାଧିକ କର୍ମୀଙ୍କ ଗହଣରେ ରବୀନ୍ଦ୍ର ସୁବୁଦ୍ଧି ବ୍ରାହ୍ମଣଙ୍କ ପୂଜାର୍ଚ୍ଚନା ମଧ୍ୟରେ ନଡ଼ିଆ ଭାଙ୍ଗି ନିର୍ଦ୍ଧାରିତ ସ୍ଥାନରେ ଶୁଭ ଦେଇଛନ୍ତି।

### ମାନସିଂହ ସାହିତ୍ୟ ସଂସଦର କବିତା ଆସର

**କୃଷ୍ଣପ୍ରସାଦ,୧୨।୪(କୈଳାସ ଚନ୍ଦ୍ର ପଟ୍ଟନାୟକ):** ମାନସିଂହ ସାହିତ୍ୟ ସଂସଦର ୫୧ତମ କବିତା ଆସର ଗୁଗଲ ମିଟ୍ ମାଧ୍ୟମରେ ବିଷ୍ଣୁପ୍ରସାଦ ଦଳେଇଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥିଭାବେ ପୁରୀରୁ ଶ୍ୟାମ ପ୍ରକାଶ ସେନାପତି ଯୋଗଦେଇ ଓଡ଼ିଆ କବିତାର ରୂପରେଖ ଆଲୋଚନା କରିଥିଲେ। ଅତିଥିଭାବେ ବିପିନ ବିହାରୀ ଦଳେଇ ଯୋଗଦେଇ କବିତା ପାଠ କରିଥିଲେ। ପ୍ରଫେସର ସରୋଜିନୀ ବରାଇ, ଆମେରିକାରୁ ଚନ୍ଦ୍ରା ମିଶ୍ର, ବସନ୍ତ ମଞ୍ଜରୀ ଯୋଗଦେଇ କବିତା ପାଠ କରିଥିଲେ। ସଂସଦର ମୁଖ୍ୟ ଉପଦେଷ୍ଟା ପ୍ରେମାନନ୍ଦ ବେହେରା ପ୍ରାରମ୍ଭିକ ବକ୍ତବ୍ୟ ପ୍ରଦାନ କରିଥିଲେ। ସମ୍ପାଦକ ଲଳିତ କୁମାର ସ୍ୱାଇଁ ଆଭିମୁଖ୍ୟ ଉପସ୍ଥାପନ କରିବା ସହ ଅତିଥିଙ୍କୁ ସ୍ୱାଗତ କରିଥିଲେ। ବ୍ରହ୍ମପୁରରୁ ବନ୍ଦନା ପଣ୍ଡାଙ୍କ ଜଗନ୍ନାଥ ଭଜନ ପରେ ପରେ ଭବାନୀପାଟଣାରୁ ଐଶ୍ୱର୍ଯ୍ୟା ପ୍ରଧାନଙ୍କ ସଂଯୋଜନାରେ ଦେଶବିଦେଶର ବହୁ କବି ସୁରେନ୍ଦ୍ର ପ୍ରଧାନ, ନିତ୍ୟାନନ୍ଦ ମହାନ୍ତି, ସମୀର ନାୟକ, ଆର୍ଯ୍ୟ ଦାସ, ପ୍ରଦୀପ୍ତ ସାହୁ, ବନ ବିହାରୀ ପଟ୍ଟନାୟକ, ପୂର୍ଣ୍ଣ ଚନ୍ଦ୍ର ଜେନାଙ୍କ ସମେତ ବହୁ ସାହିତ୍ୟ ସାଧକ ସାଧିକା ଯୋଗଦେଇ ସ୍ୱରଚିତ କବିତା ପାଠ କରିଥିଲେ। ଅନୁଷ୍ଠାନର ସଂଯୋଜକ ବିଦ୍ୟାଧର ଦଳବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

# ‘ପ୍ରତ୍ୟେକ ଓଡ଼ିଆ ମାତୃଭାଷା ପ୍ରତି ମମତା ରଖନ୍ତୁ’

**ଓଡ଼ିଆ ପକ୍ଷ ପାଳନ ଅବସରରେ ‘ବନ୍ଦନୀୟ ବରପୁତ୍ର’ ଦିବସ ଉପଲକ୍ଷେ ଆଲୋଚନାଚକ୍ର ଓ କବିତା ପାଠ**

**ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ)**


‘ବନ୍ଦନୀୟ ବରପୁତ୍ର’ ଦିବସ ଅବସରରେ ଅନୁଷ୍ଠିତ ଆଲୋଚନାଚକ୍ର ଓ କବିତା ପାଠ ଉତ୍ସବରେ ଉପସ୍ଥିତ ଅତିଥି ଏବଂ ଅନ୍ୟମାନେ।

ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ): ଓଡ଼ିଆ ପକ୍ଷ ପାଳନ ଅବସରରେ ଶନିବାର ଓଡ଼ିଶା ସାହିତ୍ୟ ଏକାଡେମୀ ଆନୁକୂଲ୍ୟରେ ଜିଲା ସଂସ୍କୃତି କାର୍ଯ୍ୟାଳୟ ପକ୍ଷରୁ ଖୋର୍ଦ୍ଧା ସାହିତ୍ୟ ସଂସଦ ସହଯୋଗରେ ସ୍ଥାନୀୟ ଜୟୀ ରାଜଗୁରୁ ଟାଉନ ହଲ୍‌ରେ ଉତ୍କଳର ବରପୁତ୍ରମାନଙ୍କ ଉପରେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଶିଷ୍ଟ ସାହିତ୍ୟିକ ପଦ୍ମଶ୍ରୀ ଡ.ଦେବୀ ପ୍ରସନ୍ନ ପଟ୍ଟନାୟକ ମୁଖ୍ୟ ଅତିଥିଭାବେ ଯୋଗଦେଇ ଓଡ଼ିଆ ଭାଷା ପ୍ରତି ବରପୁତ୍ରମାନଙ୍କ ଅବଦାନ ବିଷୟରେ ଆଲୋକପାତ କରିଥିଲେ। ପ୍ରତ୍ୟେକ ଓଡ଼ିଆ ନିଜ ମାତୃଭାଷା ପ୍ରତି ମମତା ରଖିବା ଦରକାର ବୋଲି କହିଥିଲେ। ମୁଖ୍ୟ ବକ୍ତା ପ୍ରାଧ୍ୟାପକ ଡ.ଅଜୟ ସ୍ୱାଇଁ କହିଥିଲେ, ପରିବାରରୁ ପ୍ରଥମେ ଓଡ଼ିଆ ଭାଷାକୁ ପ୍ରାଥମିକତା ଦେଇ ନିଜ ସନ୍ତାନ ସନ୍ତତିଙ୍କୁ ନିଜ କଥିତ ଓଡ଼ିଆ ଭାଷା ଉପରେ ବିଶେଷ ଧ୍ୟାନ ଦେବା ଆବଶ୍ୟକ। ସ୍ୱାଧୀନତା ସଂଗ୍ରାମରେ ବରପୁତ୍ରମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ରହିଥିଲା। ଯୁବପିଢ଼ି ସେମାନଙ୍କ ସଂଘର୍ଷମୟ କାହାଣୀ, ଜୀବନୀ ପାଠ କରନ୍ତୁ। ସମାଜ ପ୍ରତି ବରପୁତ୍ରମାନଙ୍କ ତ୍ୟାଗ, ବଳିଦାନ, ରାଷ୍ଟ୍ରପ୍ରେମ ଅତୁଳନୀୟ। ସମ୍ମାନୀୟ ବକ୍ତା ବିଶିଷ୍ଟ କବି ରକ୍ଷକ ନାଏକ ଉତ୍କଳର ବିଭିନ୍ନ ବରପୁତ୍ରଙ୍କ ବିଷୟରେ ରେଖାପାତ କରିଥିଲେ। ପ୍ରାରମ୍ଭରେ ସାହିତ୍ୟ ସଂସଦର ସଭାପତି ଗୋପାଳକୃଷ୍ଣ ଦାସ ସ୍ୱାଗତ ଭାଷଣ ଦେଇଥିବା ବେଳେ ସଂସଦର ବରିଷ୍ଠ ସଦସ୍ୟ ଡ.ନିରଞ୍ଜନ ମହାନ୍ତି ଅତିଥିଙ୍କ ପରିଚୟ ପ୍ରଦାନ କରିଥିଲେ। ଏହି ଅବସରରେ ଗ୍ରନ୍ଥକାର ଉମା ଶଙ୍କର ପ୍ରସାଦଙ୍କ ଦ୍ୱାରା ରଚିତ ‘ଅପାସୋରା ଓଡ଼ିଶା’ ପୁସ୍ତକ ଅତିଥିଙ୍କ ଦ୍ୱାରା ଉନ୍ମୋଚିତ ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ଜିଲା ସଂସ୍କୃତି ଅଧିକାରୀ ଚୌଧୁରୀ ଅରବିନ୍ଦ ଦାସ ପରିଚାଳନା କରିଥିଲେ। ଗାଳ୍ପିକ ବାସୁଦେବ ସାହୁ ଓ ତପନ ମହାପାତ୍ର ସଂଯୋଜନା କରିଥିଲେ। ଏହି କାର୍ଯ୍ୟକ୍ରମରେ ବହୁ କବି, ସାହିତ୍ୟିକ ଏବଂ ଭାଷାବିତ୍ ଯୋଗଦେବା ସହ ପ୍ରବନ୍ଧ, କ୍ଷୁଦ୍ର ଗଳ୍ପ ଓ କବିତା ପାଠ କରିଥିଲେ।

### ଶିଶୁ ସାହିତ୍ୟିକ ଅରୁଣ ଚନ୍ଦ୍ର ମହାନ୍ତିଙ୍କୁ ସମ୍ବର୍ଦ୍ଧନା

**ପୁରୁଣା ଭୁବନେଶ୍ୱର,୧୨।୪(ସୁବାସ ଚନ୍ଦ୍ର ପ୍ରଧାନ)**

ବାଲିଘର ସାହିତ୍ୟ ସଂସ୍କୃତି ପ୍ରତିଷ୍ଠାନ ତଥା ବାଲିଘର ଫାଉଣ୍ଡେଶନ ପକ୍ଷରୁ ବିଶିଷ୍ଟ ଶିଶୁ ସାହିତ୍ୟିକ ଅରୁଣ ଚନ୍ଦ୍ର ମହାନ୍ତିଙ୍କୁ ତାଙ୍କର ଜୀବନବ୍ୟାପୀ ଶିଶୁ ସାହିତ୍ୟ ସାଧନା ପାଇଁ ସମ୍ବର୍ଦ୍ଧିତ କରାଯାଇଛି। ଭୁବନେଶ୍ୱରସ୍ଥିତ ମହାନ୍ତିଙ୍କ ବାସଭବନରେ ଫାଉଣ୍ଡେଶନର ଅଧ୍ୟକ୍ଷ କୈଳାସ ଚନ୍ଦ୍ର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଏବଂ ବରିଷ୍ଠ ଶିଶୁ ସାହିତ୍ୟିକ ବଙ୍କିମ ଚନ୍ଦ୍ର ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସଭାରେ ମହାନ୍ତିଙ୍କୁ ମାନପତ୍ର, ଅଙ୍ଗବସ୍ତ୍ର ଓ ସମ୍ମାନସୂଚକ ଟ୍ରଫି ପ୍ରଦାନ କରାଯାଇଛି। ଏହି ସଭାରେ ଶିଶୁ ସାହିତ୍ୟିକ ରଘୁନନ୍ଦନ ମହାପାତ୍ର, ଜୟକୃଷ୍ଣ ସାହୁ, ରବୀନ୍ଦ୍ର କୁମାର ମହାପାତ୍ର, ବିଶ୍ୱମ୍ଭର ରାଉତ ପ୍ରମୁଖ ଯୋଗଦେଇ ‘ଓଡ଼ିଆ ଶିଶୁ ସାହିତ୍ୟକୁ ଅରୁଣ ଚନ୍ଦ୍ର ମହାନ୍ତିଙ୍କ ଅବଦାନ’ ଶୀର୍ଷକ ଆଲୋଚନାଚକ୍ରରେ ତାଙ୍କର ସାଧନା ଓ ସିଦ୍ଧି ସମ୍ପର୍କରେ ଆଲୋକପାତ କରିଥିଲେ। ଶିକ୍ଷାବିତ୍ କନକମଞ୍ଜରୀ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

## କେରଙ୍ଗରେ ସର୍ବଧର୍ମ ଶାନ୍ତି ସମ୍ମିଳନୀ ଉଦ୍‌ଘାଟିତ


କେରଙ୍ଗରେ ସର୍ବଧର୍ମ ଶାନ୍ତି ସମ୍ମିଳନୀ ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଉପସ୍ଥିତ ଅତିଥିମାନେ।

**ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ)**

ଖୋର୍ଦ୍ଧା ଉପକଣ୍ଠ କେରଙ୍ଗ ଅହମଦୀୟା ମୁସଲିମ ସଙ୍ଗଠନ ପକ୍ଷରୁ ୫୮ତମ କେରଙ୍ଗ ସର୍ବଧର୍ମ ଶାନ୍ତି ସମ୍ମିଳନୀ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ସଂସ୍କାର ଓ ନିର୍ଦ୍ଦେଶ ବିଭାଗର ଉପମୁଖ୍ୟ ମୌଲାନା ଅବ୍ଦୁଲ ଓକିଲ ନିଆଜ ପୌରୋହିତ୍ୟ କରିଥିଲେ। ସଭା କାର୍ଯ୍ୟ ଅହମଦୀୟା ମୁସଲିମ ଧର୍ମଧ୍ୱଜା ଉତ୍ତୋଳନ ଓ ସାମୂହିକ ନୀରବ ପ୍ରାର୍ଥନା ସହ ଆରମ୍ଭ ହୋଇଥିଲା। କୋରାନ ପାଠ ତସଲିମ ଅହମ୍ମଦ କରିଥିବା ବେଳେ ଉର୍ଦ୍ଦୁ ନଜମ ସଙ୍ଗୀତ ମୋଇନୁଦ୍ଦିନ ଖାଁ ପରିବେଷଣ କରିଥିଲେ। ମୁଖ୍ୟ ବକ୍ତାଭାବେ ଭୁବନେଶ୍ୱରର ମୌଲାନା ହଲିମ ଖାଁ ଯୋଗଦେଇ କହିଥିଲେ, ଈଶ୍ୱର ସର୍ବତ୍ର ବିଦ୍ୟମାନ। ଭକ୍ତଙ୍କ ଭକ୍ତିକୁ ସେ ବହୁତ ଭଲପାଆନ୍ତି । ଦ୍ୱିତୀୟ ବକ୍ତାଭାବେ ସୁଙ୍ଗୁଡାର ମୌଲାନା ମକସୁଦ ଅଲ୍ଲୀ ଯୋଗଦେଇ କହିଥିଲେ, କୋରାନ ଈଶ୍ୱରଙ୍କ ଅନ୍ତିମ ଓ ସମ୍ପୂର୍ଣ୍ଣ ଧର୍ମବିଧାନ। ସକଳ ସମସ୍ୟାର ସମାଧାନ କୋରାନରେ ରହିଛି। ବିଶ୍ୱରେ ଲକ୍ଷ ଲକ୍ଷ ମୁସଲମାନ ସ୍ତ୍ରୀ ଓ ପୁରୁଷମାନେ କୋରାନକୁ ମୁଖସ୍ଥ କରିଛନ୍ତି। କୋରାନ ସମଗ୍ର ମାନବ ଜାତି ପାଇଁ ଉଦ୍ଦିଷ୍ଟ । ପ୍ରତ୍ୟେକ ମୁସଲିମ ଧର୍ମ ବିଶ୍ୱାସୀ ପ୍ରତିଦିନ କୋରାନକୁ ପଢିବା ସହ ତଦନୁଯାୟୀ ଜୀବନ ନିର୍ବାହ କରିଥାନ୍ତି। ତୃତୀୟ ବକ୍ତା ଭାବେ ଦଶପଲ୍ଲାର ମୌଲାନା ସେକ୍ ଅବ୍ଦୁଲ କାଦିର ଯୋଗଦେଇ ଧର୍ମକାମରେ ଆର୍ଥିକ ଅନୁଦାନର ମହତ୍ତ୍ୱ ଓ ମହାନତା ବିଷୟରେ ମତାମତ ରଖିଥିଲେ। ଚତୁର୍ଥ ବକ୍ତାଭାବେ କଟକ ଜିଲା ସଭାପତି ମୌଲାନା ସେକ ହାରୁନ ରଶିଦ ଯୋଗଦେଇ ମତବ୍ୟକ୍ତ କରିଥିଲେ। ପୌରହିତ୍ୟ ଭାଷଣରେ ମୌଲାନା ଅବ୍ଦୁଲ ଓକିଲ ନିଆଜ କହିଥିଲେ, ବିଶ୍ୱରେ ଶାନ୍ତିର ବାର୍ତ୍ତା ପହଞ୍ଚାଇବାକୁ ହେବ। ଆମର ଚିତ୍ର ଓ ଚରିତ୍ରକୁ ସୁନ୍ଦର ଓ ଆଦର୍ଶବାଦୀ ଭାବେ ଗଢି ତୋଳିବାକୁ ହେବ। ଭାଇଚାରାର ବାତାବରଣ ସୃଷ୍ଟି କରିବାକୁ ହେବ। ଈଶ୍ୱରଙ୍କ ଆଶିଷ ଓ ଆଶୀର୍ବାଦର ପାତ୍ର ହେବାକୁ ପଡିବ। ସଂସାରିକ ମୋହ ମାୟାରୁ ଦୁରେଇ ରହି ପ୍ରଭୁଙ୍କ ସହ ସମ୍ପର୍କକୁ ବଢାଇବାକୁ ହେବ। ଏହି ଉଦ୍‌ଘାଟନୀ ଉତ୍ସବରେ ସମ୍ମାନିତ ଅତିଥିଭାବେ କେରଙ୍ଗ ସଭାପତି ଓସିମ ଅହମଦ ଖାଁ, ଖୋର୍ଦ୍ଧା ଜିଲା ସଭାପତି ଅବସରପ୍ରାପ୍ତ କର୍ଣ୍ଣେଲ ଡ.ଜହିରୁଦ୍ଦିନ ଖାଁ, ମୌଲାନା ସୟଦ କଲିମୁଦ୍ଦିନ, ସବିରୁଦ୍ଦିନ ଖାଁ ପ୍ରମୁଖ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମକୁ ମୌଲାନା ହଲିମ ଅହମଦ ଖାଁ ପରିଚାଳନା କରିଥିଲେ।

### ଏନ୍‌ଡିଆର୍‌ସି ବିଦ୍ୟାଳୟର ସୁବର୍ଣ୍ଣ ଜୟନ୍ତୀ ପାଳନ ପ୍ରସ୍ତୁତି

**ଜଟଣୀ,୧୨।୪(ରବୀନ୍ଦ୍ରନାଥ ମହାକୁଡ଼)**

ଜଟଣୀ ପୌରାଞ୍ଚଳ ଅନ୍ତର୍ଗତ ଏନ୍‌ଡିଆର୍‌ସି ସରକାରୀ ଉଚ୍ଚ ବିଦ୍ୟାଳୟ ପକ୍ଷରୁ ପ୍ରଧାନ ଶିକ୍ଷୟିତ୍ରୀ ସ୍ନିଗ୍ଧାରାଣୀ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ପଞ୍ଚସଖା ଶିକ୍ଷା ସେତୁ ଆଲୁମ୍‌ନି ସମିତିକୁ ନେଇ ଏକ ବୈଠକ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ୧୯୭୫ମସିହାରେ ସ୍ଥାପିତ ଉକ୍ତ ବିଦ୍ୟାଳୟ ଚଳିତ ବର୍ଷ ୫୦ବର୍ଷରେ ପଦାର୍ପଣ କରୁଥିବାରୁ ସୁବର୍ଣ୍ଣ ଜୟନ୍ତୀ ପାଳନ କିପରି କରାଯିବ ସେନେଇ ଆଲୋଚନା ହୋଇଥିଲା। ଆଲୁମ୍‌ନି ସଭାପତି ଶ୍ରୀକାନ୍ତ ପ୍ରଧାନ, ସମ୍ପାଦକ ଶିବପ୍ରସାଦ ମହାପାତ୍ରଙ୍କ ସମେତ ବହୁ ପୁରାତନ ଛାତ୍ରୀଛାତ୍ର ଉପସ୍ଥିତ ଥିଲେ। ଆସନ୍ତା ଡିସେମ୍ବର ମାସରେ ସୁବର୍ଣ୍ଣ ଜୟନ୍ତୀ ଉତ୍ସବ ପାଳନ କରାଯିବ ବୋଲି ସ୍ଥିର ହୋଇଛି। ବୈଠକରେ ସସ୍ମିତା ଦାସ, ବ୍ରଜବନ୍ଧୁ ନାୟକ, ଅମ୍ବିକା ପ୍ରସାଦ ପଟ୍ଟନାୟକ, ମହେଶ୍ୱର ରଥ, ଅଙ୍କିତା ଶର୍ମା, ଅର୍ଦ୍ଧେନ୍ଦୁ ଦାସ, ପ୍ରଶାନ୍ତ ବେହେରା, ବିଭୁପ୍ରସାଦ ଭଞ୍ଜ, ଶେଖ ଅବଦୁଲ କରିମ, ରାଜ କୁମାର ସରକାର, ଦୀପକ ବେହେରା, ସୁଲୋଚନା ବେହେରା, ରବୀନ କୁମାର ପଣ୍ଡା, ପ୍ରଭାତ ପାଢ଼ୀ, ମିନା କୁମାରୀ ବେହେରା, ଚନ୍ଦ୍ରପ୍ରଭା ସେଠୀ, ସବିତା ଷଡ଼ଙ୍ଗୀ, ମୀନାକ୍ଷୀ ପଣ୍ଡା, କୁମ୍‌କୁମ୍ ଦାସ, ଜ୍ୟୋସ୍ନାରାଣୀ ମହାନ୍ତି, ଦୀପ୍ତି ମହାନ୍ତିଙ୍କ ସହ ବହୁ ଛାତ୍ରୀଛାତ୍ର ଉପସ୍ଥିତ ଥିଲେ। ଶେଷରେ ଶିକ୍ଷକ ସନ୍ତୋଷ କୁମାର ମିଶ୍ର ଧନ୍ୟବାଦ ଦେଇଥିଲେ।

## ସରପଞ୍ଚଙ୍କୁ ଧକ୍କାମାରି ଖସି ପଳାଇଲେ ଚୋରା ମଦ ବେପାରୀ

**ଟାଙ୍ଗୀ,୧୨।୪(ରଘୁନାଥ ସାହୁ)**

ଟାଙ୍ଗୀରେ ଚୋରା ମଦ କାରବାର ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି। ଶୁକ୍ରବାର ରାତିରେ ସ୍ଥାନୀୟ ସରପଞ୍ଚ କିଶୋର କୁମାର ବେହେରାଙ୍କୁ ଧକ୍କାମାରି ଜଣେ ଚୋରା ମଦ ବେପାରୀ ଘଟଣାସ୍ଥଳରୁ ଚମ୍ପଟ ମାରିଛନ୍ତି। ତେବେ ସରପଞ୍ଚ ବେହେରା ମଦ ଏବଂ ସ୍କୁଟି ଜବତ କରି ଟାଙ୍ଗୀ ପୋଲିସ ଦେଇଛନ୍ତି। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଛି। ସୂଚନା ମୁତାବକ, ଜଣେ ବେପାରୀ ସ୍କୁଟିରେ ଚୋରା ମଦ ନେଇ ଯାଉଥିବା ସରପଞ୍ଚ ବେହେରା ସୂଚନା ପାଇଥିଲେ। ଏହା ପରେ ସରପଞ୍ଚ ବାଇକ୍‌ରେ ପିଛା କରିବା ସହ ଟାଙ୍ଗୀ କାଲୁପଡାଘାଟ ରାସ୍ତାର ପୁରୁଣା ଫାୟାର ଷ୍ଟେଶନ ନିକଟରେ ମଦ ବେପାରୀଙ୍କୁ ଧରିଥିଲେ। ତେବେ ସରପଞ୍ଚଙ୍କୁ ଧକ୍କାମାରି ବେପାରୀ ଜଣଙ୍କ ମଦ ଓ ସ୍କୁଟି ଛାଡ଼ି ଘଟଣାସ୍ଥଳରୁ ଖସି ପଳାଇଥିଲେ। ପୋଲିସ ପହଞ୍ଚି ସ୍କୁଟି ସହ ଦୁଇ ବସ୍ତା ଆସ୍କାଫର୍ଟି ମଦ ଜବତ କରିଛି। ଫେରାର ଚୋରା ମଦ ବେପାରୀଙ୍କୁ ଗିରଫ କରିବା ପାଇଁ ପୋଲିସ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରଖିଛି।

## ଜିଲାସ୍ତରୀୟ ସମର କ୍ରିକେଟ କୋଚିଂ କ୍ୟାମ୍ପ ଆରମ୍ଭ



ସମର କ୍ରିକେଟ କୋଚିଂ କ୍ୟାମ୍ପ ଉଦ୍‌ଘାଟନୀ ଅବସରରେ ଉପସ୍ଥିତ ଅତିଥି ଏବଂ ଅନ୍ୟମାନେ।

**ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ)**

ଓଡ଼ିଶା କ୍ରିକେଟ ଆସୋସିଏଶନ(ଓସିଏ) ଏବଂ ଖୋର୍ଦ୍ଧା ଜିଲା କ୍ରିକେଟ ଆସୋସିଏଶନ(ଡିସିଏ)ର ମିଳିତ ଉଦ୍ୟମରେ ସ୍ଥାନୀୟ ବକ୍ସି ଜଗବନ୍ଧୁ ଉଚ୍ଚ ବିଦ୍ୟାଳୟ ମିନି ଷ୍ଟାଡିୟମରେ ଦୁଇଦିନିଆ ସମର କ୍ରିକେଟ କୋଚିଂ କ୍ୟାମ୍ପ ଶନିବାର ଉଦ୍‌ଘାଟିତ ହୋଇଯାଇଛି। ଖୋର୍ଦ୍ଧା ଜିଲାର ବିଭିନ୍ନ ସ୍ଥାନରୁ ଶତାଧିକ କ୍ରିକେଟ ଖେଳାଳି ଏହି ପ୍ରଶିକ୍ଷଣ ଶିବିରରେ ଯୋଗଦେଇଛନ୍ତି। ଓଡ଼ିଶା କ୍ରିକେଟ ଏକାଡେମୀର ବୈଷୟିକ ନିର୍ଦ୍ଦେଶକ ଭି.ଭେଙ୍କଟରାମ, କୋଚ୍ ଏମ୍.ଭି ପ୍ରସାଦ ଏବଂ ପ୍ରଭାତ ନାୟକ ଯୋଗଦେଇ ବ୍ୟାଟ୍ସମ୍ୟାନ ଓ ବୋଲରଙ୍କୁ ବିଭିନ୍ନ ଟିପ୍ସ ସହ ନୂତନ ଟେକ୍ନିକ, ତ୍ରୁଟି ସୁଧାରିବା, ଖେଳରେ ଏକାଗ୍ରତା, ଭବିଷ୍ୟତରେ ଉନ୍ନତମାନର ଖେଳ ପ୍ରଦର୍ଶନ ପାଇଁ ନିଜକୁ ପ୍ରସ୍ତୁତି ପ୍ରଭୃତି ବିଭିନ୍ନ ପ୍ରସଙ୍ଗରେ ପରାମର୍ଶ ଦେଇଥିଲେ। କଠିନ ପରିଶ୍ରମ, ଖେଳ ପ୍ରତି ଆଗ୍ରହ ନିଷ୍ଠା ସଫଳତାର ଶୀର୍ଷରେ ପହଞ୍ଚାଇବ ବୋଲି କହିଥିଲେ। ପ୍ରାରମ୍ଭରେ କ୍ରିକେଟ ଆସୋସିଏଶନ ଅଫ ଦି ଡିଷ୍ଟ୍ରିକ୍ଟ ଖୋର୍ଦ୍ଧାର ସଭାପତି ରାଜେନ୍ଦ୍ର କୁମାର ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ଅତିଥିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଭେଙ୍କଟରାମଙ୍କୁ ମାନପତ୍ର ସହ ଉପଢୌକନ ଦେଇ ସମ୍ବର୍ଦ୍ଧନା ଦିଆଯାଇଛି। ଭେଙ୍କଟରାମ ତାଙ୍କ ଅଭିଭାଷଣରେ ଖେଳାଳିମାନଙ୍କୁ ସମୟାନୁବର୍ତ୍ତିତା, ଧୈର୍ଯ୍ୟ, ଉତ୍ତମ ବ୍ୟବହାର ଏବଂ ଅଭ୍ୟାସ ଜଣେ ଖେଳାଳିଙ୍କୁ ଆଗକୁ ବଢ଼ିବାରେ ସାହାଯ୍ୟ କରିବା ସହିତ ବଡ଼ ଖେଳାଳିରେ ପରିଣତ କରିପାରିବ ବୋଲି ପରାମର୍ଶ ଦେଇଥିଲେ। ଓସିଏ କୋଷାଧ୍ୟକ୍ଷ ତଥା ଜିଲା କ୍ରିକେଟ ସଂଘ ସମ୍ପାଦକ ବିକାଶ ପ୍ରଧାନ ଖେଳାଳିଙ୍କୁ ଉତ୍ସାହିତ କରିଥିଲେ। ବିଭାବସୁ ମହାନ୍ତି, ଚଣ୍ଡୀ ପ୍ରସାଦ ଆଚାର୍ଯ୍ୟ ସଭା କାର୍ଯ୍ୟ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଯୁଗ୍ମ ସମ୍ପାଦକ କାଜଲ ବଳିୟାରସିଂ, କିରଣ ଶତପଥୀ, ବ୍ରିଜେଶ ପ୍ରଧାନ, ସୁଧୀର ସାହୁ, ଜିଲା କୋଚ ସୌମେନ୍ଦ୍ର ମହାନ୍ତି, ରୋହିତ ରାୟ ଏବଂ ଅବ୍ୟକ୍ତ ହରିହର ଖାଡ଼ଙ୍ଗା ଉପସ୍ଥିତ ଥିଲେ। ୧୨ ଓ ୧୩ ତାରିଖରେ ବହୁ କ୍ରିକେଟ ଖେଳାଳି ଯୋଗଦେଇ ଭେଙ୍କଟରାମଙ୍କଠାରୁ ପରାମର୍ଶ ନେବା ପାଇଁ ସଭାପତି ସାହୁ କହିଛନ୍ତି।

## ଚୈତ୍ରପୂର୍ଣ୍ଣିମାରେ ବିନ୍ଦୁସାଗରରେ ଆଳତି

**ପୁରୁଣା ଭୁବନେଶ୍ୱର,୧୨।୪(ସୁବାସ ଚନ୍ଦ୍ର ପ୍ରଧାନ)**



ଚୈତ୍ର ପୂର୍ଣ୍ଣିମା ଅବସରରେ ଶନିବାର ସୂର୍ଯ୍ୟାସ୍ତ ସମୟରେ ଭୁବନେଶ୍ୱର ଶାନ୍ତି କମିଟି ପକ୍ଷରୁ ବିନ୍ଦୁସାଗରରେ ଆଳତି ରାମ ନାରାୟଣଜୀ ମହାରାଜ କରିଥିଲେ। ପ୍ରଥମେ ପଣ୍ଡିତ ସୂର୍ଯ୍ୟ ନାରୟଣ ମିଶ୍ର ଶ୍ରୀଗଣେଶଙ୍କୁ ପୂଜା କରିବା ପରେ ସମୂହ ହନୁମାନ ଚାଳିଶା ପାଠ କରାଯାଇ ଶଙ୍ଖ, ଘଣ୍ଟଘଣ୍ଟା, ହରିବୋଲ, ହୁଳହୁଳି ସହ ନାମ ସଂକୀର୍ତ୍ତନ ମଧ୍ୟରେ ମହାଆଳତି କରାଯାଇଥିଲା। ଭୁବନେଶ୍ୱର ଆଖପାଖ ଅଞ୍ଚଳରେ ରହୁଥିବା ଅଧିବାସୀଙ୍କ ମଙ୍ଗଳ କାମନା କରାଯିବା ସହ ଏହି ଜଳକୁ ଦୂଷିତ ନ କରିବା ପାଇଁ ଅନୁରୋଧ କରାଯାଇଥିଲା। ଏଥିସହ ବିନ୍ଦୁସାଗର ଆଖପାଖ ଅଞ୍ଚଳକୁ ସ୍ୱଚ୍ଛ ରଖିବା ପାଇଁ ନିବେଦନ କରାଯାଇଥିଲା। ସଭାପତି ମଧୁମାଧବ ଜେନାଙ୍କ ଆବାହକତ୍ୱରେ ଅନୁଷ୍ଠିତ ଉତ୍ସବରେ ଉପଦେଷ୍ଟା ଡ.ନାରୟଣ ମହାପାତ୍ର, ଉପସଭାପତି ରାଜେନ୍ଦ୍ର ସମର୍ଥା, ସମ୍ପାଦକ ନବକିଶୋର ବେହେରା, ବିଜୟ ପାତ୍ର, ଶିଳାଭଦ୍ର ଶାସ୍ତ୍ରୀ, ଆଶାଲତା ରାଉତରାୟ, ଚନ୍ଦ୍ର ଶେଖର ବେହେରା ପ୍ରମୁଖ କାର୍ଯ୍ୟକ୍ରମ ପରଚାଳନା କରିଥିଲେ।

### ବଡ଼ବେରଣାରେ ପଞ୍ଚଦଣ୍ଡ ମେଳଣ

**ବେଗୁନିଆ,୧୨।୪(ସନ୍ଧ୍ୟାରାଣୀ ମିଶ୍ର)**

ବେଗୁନିଆ ବ୍ଲକ ଅନ୍ତର୍ଗତ ବଡ଼ବେରଣା ଗ୍ରାମର ଗୋପୀନାଥ ଦେବଙ୍କ ପୀଠରେ ମା’କାଳିକା ପଞ୍ଚଦଣ୍ଡ ମେଳଣ ଅନୁଷ୍ଠିତ ହୋଇଛି। ଏହି ମେଳଣରେ ମୁକୁନ୍ଦପୁର, ମଲ୍ଲୀପଦର, କୁଶପଲା, ଧାନଘରନୂଆଗାଁ ଆଦି ଗ୍ରାମରୁ ଦଣ୍ଡଧାରି ଭକ୍ତମାନେ ଯୋଗଦେଇଥିଲେ। ପାଟଭଗତା ବେଣୁଧର ମହାରଣା, ପାଟଦଣ୍ଡୁଆ ଦୁର୍ଗା ପ୍ରସାଦ ବାରିକ ଓ ମୁଖ୍ୟ ପରିଚାଳକ ପ୍ରାଣକୃଷ୍ଣ ପ୍ରଧାନଙ୍କ ସମେତ ଗ୍ରାମବାସୀ କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି।

## ସାମୂହିକ ହନୁମାନ ଚାଳିଶା ପାଠ

**ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ)**

ମହାବୀର ଜୟନ୍ତୀ ଅବସରରେ ବିଶ୍ୱ ହିନ୍ଦୁ ପରିଷଦ(ବିଏଚ୍‌ପି) ବଜରଙ୍ଗଦଳ ଖୋର୍ଦ୍ଧା ପ୍ରଖଣ୍ଡ ଆନୁକୂଲ୍ୟରେ ଭାଲିଆବାଡିସ୍ଥିତ ଭାଗବତ ବାସୁଦେବଙ୍କ ମନ୍ଦିରଠାରେ ସାମୂହିକ ହନୁମାନ ଚାଳିଶା ପାଠ କରାଯାଇଛି। ମହାବୀରଙ୍କ ପୂଜାର୍ଚ୍ଚନା ସହ ହନୁମାନଙ୍କ ଜୟଜୟକାରରେ ଏକ ଆଧ୍ୟାତ୍ମିକ ପରିବେଶ ସୃଷ୍ଟି ହୋଇଥିଲା। ଭାରତ ରକ୍ଷା ମଞ୍ଚ ଜିଲା ସଂଯୋଜକ ମିହିର କୁମାର ବିଧାର ଅତିଥିଭାବେ ଯୋଗଦେଇ କହିଥିଲେ, ଚୈତ୍ର ମାସର ପୂର୍ଣ୍ଣିମା ତିଥିରେ ହନୁମାନ ଜୟନ୍ତୀ ପାଳନ କରାଯାଏ। ଏହି ଦିନରେ ଯିଏ ସ୍ୱଚ୍ଛ ମନରେ ହନୁମାନଙ୍କ ପୂଜାର୍ଚ୍ଚନା କରେ ସମସ୍ତ ଇଚ୍ଛା ପୂରଣ ହୁଏ। ବିଏଚପିର ଜିଲା ସହ ସମ୍ପାଦକ ଗୋପବନ୍ଧୁ ସାହୁ, ପ୍ରଖଣ୍ଡ ସଭାପତି ସୁଦର୍ଶନ ରଥ, ସମ୍ପାଦକ ଅଜୟ ମାଝୀ, ବଜରଙ୍ଗ ଦଳ ଜିଲା ସଂଯୋଜକ ଉଦିତ୍ୟ ନାରାୟଣ ପ୍ରହରାଜ, ସହ ସଂଯୋଜକ ଏସ୍.ଏମ୍. ଦିବ୍ୟପ୍ରକାଶଙ୍କ ସମେତ ବହୁ କର୍ମକର୍ତ୍ତା ଯୋଗଦେଇଥିଲେ। ଅଭିଜିତ ସିଂହ ଏବଂ ବିଶ୍ୱରଞ୍ଜନ ରାଉତରାୟ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।



## କାମରେ ଆସୁନି ପ୍ରାଣୀ ସହାୟକ ଚିକିତ୍ସାକେନ୍ଦ୍ର

**ବେଗୁନିଆ,୧୨।୪(ସନ୍ଧ୍ୟାରାଣୀ ମିଶ୍ର)**




ବେଗୁନିଆ ଓ ସିକୋ ପ୍ରାଣୀଧନ ଚିକିତ୍ସାଳୟ ଅଧୀନରେ ୮ଟି ପ୍ରାଣୀ ସହାୟକ ଚିକିତ୍ସାକେନ୍ଦ୍ର ରହିଛି। ସେଥିରୁ ୪ଟି ସହାୟକ ଚିକିତ୍ସାକେନ୍ଦ୍ରର ଗୃହ କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇଥିଲେ ମଧ୍ୟ ବର୍ତ୍ତମାନ ସୁଦ୍ଧା ହସ୍ତାନ୍ତର ହୋଇ ନ ଥିବାରୁ ପରିତ୍ୟକ୍ତ ଅବସ୍ଥାରେ ରହିଛି। ୨୦୧୫ ମସିହାରେ ପ୍ରାଣୀଧନ ଗଣନା ଅନୁଯାୟୀ, ବ୍ଲକ ଅଞ୍ଚଳରେ ୩୦ହଜାରରୁ ଊର୍ଦ୍ଧ୍ୱ ଗୃହପାଳିତ ପ୍ରାଣୀ ରହିଥିବା ବେଳେ ଉଭୟ ଚିକିତ୍ସାଳୟରେ ୫ଜଣ ଅଧିକାରୀଙ୍କ ପରିବର୍ତ୍ତେ ୩ଜଣ କାର୍ଯ୍ୟରତ ଅଛନ୍ତି। ବିଗତ ୩ବର୍ଷରୁ ଊର୍ଦ୍ଧ୍ୱ ହେଲା ମଣ୍ଡଳ ପ୍ରାଣୀ ଚିକିତ୍ସାଧିକାରୀ ଅପରାଜିତା ସାମନ୍ତରାୟ ଭୁବନେଶରରେ ଡେପୁଟେସନରେ କାର୍ଯ୍ୟ କରୁଛନ୍ତି। ତେବେ ସାରୁଅ, ବଡ଼ବେରଣା, ବୋଡଲମା ଓ ପଙ୍ଗାରସିଂହ ସହାୟକ ଚିକିତ୍ସାକେନ୍ଦ୍ର ପରିତ୍ୟକ୍ତ ଅବସ୍ଥାରେ ରହିଥିବା ବେଳେ ସେଠାରେ ସୁରକ୍ଷା ପାଚେରି, ବିଦ୍ୟୁତ୍ ସଂଯୋଗୀକରଣ ଏଂ ଜଳଯୋଗାଣ ଆଦି ସୁବିଧା ଉପଲବ୍ଧ ନାହିଁ। ଫଳରେ ଘରଗୁଡ଼ିକ ଜରାଜୀର୍ଣ୍ଣ ଅବସ୍ଥାରେ ଥିବାରୁ ଅସାମାଜିକଙ୍କ ଆଡ୍ଡାସ୍ଥଳୀ ପାଲଟିଛି। ଏହି କେନ୍ଦ୍ରଗୁଡ଼ିକର କାର୍ଯ୍ୟ ଶେଷ ହୋଇଥିଲେ ମଧ୍ୟ ବର୍ତ୍ତମାନ ସୁଦ୍ଧା ହସ୍ତାନ୍ତର ହୋଇ ନ ଥିବାରୁ କର୍ମଚାରୀମାନେ ସେଠାରେ ବସି ପ୍ରାଣୀ ଚିକିତ୍ସା କରିବା ସମ୍ଭପର ହେଉନାହିଁ।

**ନାହାନ୍ତି ଆବଶ୍ୟକ ସଂଖ୍ୟକ କର୍ମଚାରୀ**

ଲାଇଭଷ୍ଟକ ଇନ୍‌ସ୍ପେକ୍ଟର ୮ଜଣଙ୍କ ମଧ୍ୟରୁ ୬ଜଣ ରହିଥିବା ବେଳେ ଡାଳତୋଳା ସହାୟକ ଚିକିତ୍ସାକେନ୍ଦ୍ରର ଜଣେ ଲାଇଭଷ୍ଟକ ଇନ୍‌ସ୍ପେକ୍ଟର ୬ମାସରୁ ଊର୍ଦ୍ଧ୍ୱ ହେବ ଛୁଟିରେ ରହିଛନ୍ତି । ୧୧ଜଣ ପରିଚାରକଙ୍କ ମଧ୍ୟରୁ ୬ଜଣ ପରିଚାରକ କାର୍ଯ୍ୟ କରୁଛନ୍ତି। ଆବଶ୍ୟକ ସଂଖ୍ୟକ କର୍ମଚାରୀ ଅଭାବରୁ ପ୍ରାଣୀ ଚିକିତ୍ସା କ୍ଷେତ୍ରରେ ଅସୁବିଧା ଦେଖାଦେଇଛି। ଏଥିପ୍ରତି ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ଦାବି ହେଉଛି।

## ସଂକ୍ଷେପରେ

### ବିଦ୍ୟାଳୟରେ ୟୁଏସ୍ ପୋର୍ଟାଲ ଲାଗୁ ନିଷ୍ପତ୍ତିକୁ ଶିକ୍ଷକ ସମନ୍ୱୟ ସମିତିର ବିରୋଧ

ଭୁବନେଶ୍ୱର,୧୨।୪(ସୁଚିସ୍ମିତା ସାହୁ)

ୟୁନିଫାଏଡ୍ ଅଟୋମେଶନ୍ ସିଷ୍ଟମ (ୟୁଏସ୍‌ଏସ୍)କୁ କାର୍ଯ୍ୟକାରୀ କରିବା ପାଇଁ ବିଦ୍ୟାଳୟଗୁଡ଼ିକରେ ଉପଯୁକ୍ତ ଭିତ୍ତିଭୂମି ସୃଷ୍ଟି କରାଯାଉ। ଆବଶ୍ୟକ ଶିକ୍ଷକ ନିଯୁକ୍ତି କରିବା ସହିତ ମୋବାଇଲ, ଇଣ୍ଟରନେଟ୍, କମ୍ପ୍ୟୁଟରର ବ୍ୟବସ୍ଥା କରାଯାଉ। ଏସବୁ ଭିତ୍ତିଭୂମି ନ ଯୋଗାଇ ବିଦ୍ୟାଳୟସ୍ତରରେ ଏହି ସିଷ୍ଟମ୍ ଲାଗୁ ନିଷ୍ପତ୍ତିକୁ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ କର୍ମଚାରୀ ସମନ୍ୱୟ ସମିତି ତୀବ୍ର ବିରୋଧ କରୁଛି ବୋଲି ଏହାର ଆବାହକ ରଞ୍ଜନ କୁମାର ଦାଶ ଶନିବାର ଏକ ପ୍ରେସ୍ ଇସ୍ତାହାରରେ ଜଣାଇଛନ୍ତି। ସେ କହିଛନ୍ତି, ୨୦୨୪-୨୫ ଶିକ୍ଷାବର୍ଷରେ ପରୀକ୍ଷାମୂଳକ ଭାବରେ ଭୁବନେଶ୍ୱର ମ୍ୟୁନିସିପାଲିଟି ଓ କୋରାପୁଟ ଜିଲାର ମୋଟୁ ବ୍ଲକରେ ୟୁନିଫାଏଡ୍ ଅଟୋମେଶନ୍ ସିଷ୍ଟମକୁ ଲାଗୁ କରାଯାଇଥିଲା। କିନ୍ତୁ ସମସ୍ତ ଉଦ୍ୟମ ସତ୍ତ୍ୱେ ଏହି ବ୍ୟବସ୍ଥାକୁ ବର୍ଷସାରା ସଫଳ ରୂପାୟନ କରାଯାଇପାରି ନ ଥିଲା। ବର୍ତ୍ତମାନର ସରକାର ପୁନଶ୍ଚ ଏହି କାର୍ଯ୍ୟକ୍ରମକୁ ଲାଗୁ କରିବାକୁ ଚାହୁଁଛନ୍ତି। ବିଦ୍ୟାଳୟରେ ଉପଯୁକ୍ତ ଡିଭାଇସ୍ ନାହିଁ କି ଡାଟା ପରିଚାଳକ ମଧ୍ୟ ନିଯୁକ୍ତ ହୋଇନାହାନ୍ତି। ଶିକ୍ଷକ ସଂଗଠନଗୁଡ଼ିକ ସହିତ ସରକାର ଏ ବାବଦରେ କୌଣସି ବିଚାରବିମର୍ଶ ଓ ଆଲୋଚନା ନ କରି ଏହାକୁ କାର୍ଯ୍ୟକାରୀ କରିବା କେତେଦୂର ଯୁକ୍ତିଯୁକ୍ତ ବୋଲି ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଆବଶ୍ୟକ ଭିତ୍ତିଭୂମି ପରେ ଏହାକୁ ଲାଗୁ କରିବାକୁ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ପକ୍ଷରୁ ସଭାପତି ସୁକାନ୍ତ ବେହେରା, ଅକ୍ଷୟ ମିଶ୍ର, ବିକ୍ରମ ଦାସ ଓ ପ୍ରମୋଦ ହୋତା ପ୍ରମୁଖ ଦାବି କରିଛନ୍ତି।

# ଓଡ଼ିଶାର ବରପୁତ୍ରମାନେ ଚିର ନମସ୍ୟ

### ଓଡ଼ିଆ ପକ୍ଷର ଦ୍ୱାଦଶ ଦିବସ

ଭୁବନେଶ୍ୱର,୧୨।୪(ସୁଚିସ୍ମିତା ସାହୁ)



ବାଲେଶ୍ୱର ସଦ୍‌ଭାବନା ଗୃହଠାରେ ଆୟୋଜିତ ଆଲୋଚନାଚକ୍ରରେ ଅତିଥିମାନେ।

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ, ଓଡ଼ିଶା ସାହିତ୍ୟ ଏକାଡେମୀ ଏବଂ ଜିଲା ପ୍ରଶାସନ ପକ୍ଷରୁ ଓଡ଼ିଆ ପକ୍ଷ ପାଳନର ଦ୍ୱାଦଶ ଦିବସ ଅବସରରେ ଶନିବାର ବିଭିନ୍ନ ଶିକ୍ଷାନୁଷ୍ଠାନରେ ଓଡ଼ିଶାର ବନ୍ଦନୀୟ ବରପୁତ୍ରଙ୍କ ଉପରେ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶାର ବରପୁତ୍ରମାନେ ହେଉଛନ୍ତି ଚିରନମସ୍ୟ। ଓଡ଼ିଶାକୁ ଏକ ସ୍ୱତନ୍ତ୍ର ପ୍ରଦେଶର ମାନ୍ୟତା ଦେବା ସହିତ ଆମ ଭାଷା, ସାହିତ୍ୟ, କଳା, ସଂସ୍କୃତି, ଐତିହ୍ୟକୁ ବଜାୟ ରଖିବା ପାଇଁ ସେମାନଙ୍କ ଅତୁଳନୀୟ ଅବଦାନ ରହିଥିଲା। ତେଣୁ ଆଜିର ଯୁବପିଢ଼ି ଆମ ବରପୁତ୍ରଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ସମୃଦ୍ଧ ଓ ବିକଶିତ ଓଡ଼ିଶା ଗଠନରେ ନିଜର ଯୋଗଦାନ ଦେବା ସହିତ ଓଡ଼ିଆ ସଂସ୍କୃତିକୁ ପୁନଶ୍ଚ ବିଶ୍ୱବିଦିତ କରିବା ପାଇଁ ପ୍ରତିଜ୍ଞାବଦ୍ଧ ହେଉ ବୋଲି ସାହିତ୍ୟିକ ଓ ବୁଦ୍ଧିଜୀବୀମାନେ ମତପ୍ରକାଶ କରିଛନ୍ତି। କାର୍ଯ୍ୟକ୍ରମରେ ବିଭିନ୍ନ ବିଦ୍ୟାଳୟ, ମହାବିଦ୍ୟାଳୟର ଛାତ୍ରୀଛାତ୍ରଙ୍କ ସମେତ ଲେଖକ, କବି, ଶିକ୍ଷାବିତ୍‌ମାନେ ଯୋଗଦେଇ ଓଡ଼ିଶାର ବରପୁତ୍ରଙ୍କର ଅମ୍ଳାନ ଅବଦାନର ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ବିଭିନ୍ନ ଅନୁଷ୍ଠାନରେ କବିତା ପାଠୋତ୍ସବ, ପ୍ରବନ୍ଧ ଲିଖନ ଏବଂ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯାଇଥିଲା। ୧୯୩୬ ଏପ୍ରିଲ ୧ରେ ଆମ ରାଜ୍ୟ ଓଡ଼ିଶା ସ୍ୱତନ୍ତ୍ର ପ୍ରଦେଶର ମାନ୍ୟତା ପାଇଥିଲା। ଆମ ବରପୁତ୍ରଙ୍କ ତ୍ୟାଗ ଓ ବଳିଦାନରେ ଓଡ଼ିଶା ସ୍ୱତନ୍ତ୍ର ଭାଷାଭିତ୍ତିକ ପ୍ରଦେଶ ଭାବରେ ଚିତ୍ରିତ ହୋଇପାରିଥିଲା। ସେହି ବରପୁତ୍ରଙ୍କ ଆଦର୍ଶରେ ଅନୁପ୍ରାଣିତ ହେବା ସହିତ ଆମ ଭାଷା, ସାହିତ୍ୟ ଓ ସଂସ୍କୃତିକୁ ଚିରଉଜ୍ଜୀବିତ କରି ରଖିବା ଓଡ଼ିଆ ପକ୍ଷ ପାଳନର ମୁଖ୍ୟ ଉଦ୍ଦେଶ୍ୟ ଥିଲା ବୋଲି ମତପ୍ରକାଶ ପାଇଛି।

# ବିନ୍ଦୁସାଗରରେ ମହା ଆଳତି

ପୁରୁଣା ଭୁବନେଶ୍ୱର,୧୨।୪ (ସୁବାସ ଚନ୍ଦ୍ର ପ୍ରଧାନ)

ଚୈତ୍ର ପୂର୍ଣ୍ଣିମା ଅବସରରେ ଶନିବାର ସୂର୍ଯ୍ୟାସ୍ତ ସମୟରେ ଭୁବନେଶ୍ୱର ଶାନ୍ତି କମିଟି ପକ୍ଷରୁ ବିନ୍ଦୁସାଗରରେ ଆଳତି ରାମ ନାରାୟଣଜୀ ମହାରାଜ କରିଥିଲେ। ପ୍ରଥମେ ପଣ୍ଡିତ ସୂର୍ଯ୍ୟ ନାରାୟଣ ମିଶ୍ର ଶ୍ରୀଗଣେଶଙ୍କୁ ପୂଜା କରିବା ପରେ ସମୂହ ହନୁମାନ ଚାଳିଶା ପାଠ କରାଯାଇ ଶଙ୍ଖ, ଘଣ୍ଟ, ଘଣ୍ଟା, ହରିବୋଲ, ହୁଳହୁଳି ସହ ନାମ ସଂକୀର୍ତ୍ତନ ମଧ୍ୟରେ ମହାଆଳତି କରାଯାଇଥିଲା। ଭୁବନେଶ୍ୱରର ଆଖପାଖ ଅଞ୍ଚଳରେ ରହୁଥିବା ଅଧିବାସୀଙ୍କ ମଙ୍ଗଳ କାମନା କରାଯିବା ସହ ଏହି ଜଳକୁ ଦୂଷିତ ନ କରିବା ପାଇଁ ଅନୁରୋଧ କରାଯାଇଥିଲା। ଏଥିସହ ବିନ୍ଦୁସାଗର ଆଖପାଖ ଅଞ୍ଚଳକୁ ସ୍ୱଚ୍ଛ ରଖିବା ପାଇଁ ନିବେଦନ କରାଯାଇଥିଲା। ସଭାପତି ମଧୁମାଧବ ଜେନାଙ୍କ ଆବାହକତ୍ୱରେ ଅନୁଷ୍ଠିତ ଉତ୍ସବରେ ଉପଦେଷ୍ଟା ଡ. ନାରାୟଣ ମହାପାତ୍ର, ଉପସଭାପତି ରାଜେନ୍ଦ୍ର ସମର୍ଥା, ସମ୍ପାଦକ ନବକିଶୋର ବେହେରା, ବିଜୟ ପାତ୍ର, ଶିଳାଭଦ୍ର ଶାସ୍ତ୍ରୀ, ଆଶାଲତା ରାଉତରାୟ, ଚନ୍ଦ୍ର ଶେଖର ବେହେରା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।



ବିନ୍ଦୁସାଗରରେ ମହା ଆଳତି କରାଯାଉଛି।



ବଜରଙ୍ଗ ଦଳ ପକ୍ଷରୁ ହନୁମାନ ଜୟନ୍ତୀ ଉପଲକ୍ଷେ ଶନିବାର ଅନୁଷ୍ଠିତ ଶୋଭାଯାତ୍ରା।

# ବିଶ୍ୱ ହିନ୍ଦୁ ପରିଷଦର ହନୁମାନ ଜୟନ୍ତୀ ଶୋଭାଯାତ୍ରା

ଭୁବନେଶ୍ୱର, ୧୨।୪ (ବନ୍ଦନା ସେଠୀ)

ଭୁବନେଶ୍ୱର ବିଶ୍ୱ ହିନ୍ଦୁ ପରିଷଦର ଯୁବ ବାହିନୀ ବଜରଙ୍ଗ ଦଳ ପକ୍ଷରୁ ହନୁମାନ ଜୟନ୍ତୀ ଉପଲକ୍ଷେ ଶନିବାର ବଡ଼ଧରଣର ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏଥିସହ ପରିଷଦ ପକ୍ଷରୁ ବିଭିନ୍ନ ମଠ, ମନ୍ଦିରରେ ହନୁମାନ ଚାଳିଶା ଓ ସୁନ୍ଦରାକାଣ୍ଡ ପାଠ କରାଯାଇଥିଲା। ସନ୍ଧ୍ୟାରେ ଶ୍ରୀ ହନୁମାନଙ୍କ ଏକ ପ୍ରତିମୂର୍ତ୍ତି ସହ ଶତାଧିକ ବଜରଙ୍ଗୀ କର୍ମୀ ୟୁନିଟ୍-୩ସ୍ଥିତ ରାମ ମନ୍ଦିରରୁ ଶୋଭାଯାତ୍ରାରେ ବାହାରି ମାଷ୍ଟରକ୍ୟାଣ୍ଟିନ ଛକ ହୋଇ ରାଜମହଲଠାରେ ପହଞ୍ଚିଥିଲେ। ଏହି ଅବସରରେ ବଜରଙ୍ଗ ଦଳର ଭୁବନେଶ୍ୱର ମହାନଗରରେ ଥିବା ବିଭିନ୍ନ ମିଳନ କେନ୍ଦ୍ରଗୁଡିକ ମଧ୍ୟରେ ଆୟୋଜିତ କବାଡ଼ି ପ୍ରତିଯୋଗିତାରେ ବିଜୟୀ ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯାଇଥିଲା। ପରିଷଦର ଭୁବନେଶ୍ୱର ଜିଲା ସଭାପତି ପ୍ରଦୀପ ମହାନ୍ତିଙ୍କ ନେତୃତ୍ୱରେ ଏସବୁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅତିଥିଭାବେ ପରିଷଦର ଓଡ଼ିଶା ବଜରଙ୍ଗ ଦଳର ପ୍ରାନ୍ତ ସଂଯୋଜକ ପ୍ରଭାତ ଭୂଷଣ ତ୍ରିପାଠୀ ଯୋଗଦେଇଥିଲେ। ଶୋଭାଯାତ୍ରାରେ ପ୍ରତ୍ୟୁଷ ରାଉତରାୟ, ଶୁଭ୍ରାଂଶୁ ଶତପଥୀ, ଶୁଭେନ୍ଦୁ ରାଉତ, ଦିନବନ୍ଧୁ ଷଡ଼ଙ୍ଗୀ ଏବଂ ଅଭିମନ୍ୟୁ ପାଇକରାୟ ପ୍ରମୁଖ କାର୍ଯ୍ୟକର୍ତ୍ତା ଯୋଗଦେଇଥିଲେ।

# ମା' ଗଙ୍ଗାଧାରେଣୀଙ୍କ ପୀଠରେ ଝାମୁଯାତ୍ରା

ତ୍ରିଶୁଳିଆ,୧୨।୪(ତୁଷାରକାନ୍ତ ବେହେରା)

ବାରଙ୍ଗ ବ୍ଲକ ଅଧୀନ ନରାଜ ଗ୍ରାମର ଅଧିଷ୍ଠାତ୍ରୀ ଦେବୀ ମା' ଗଙ୍ଗାଧାରେଣୀଙ୍କ ପୀଠରେ ଝାମୁଯାତ୍ରା ଶନିବାର ପାଳିତ ହୋଇଯାଇଛି। ୫ ଦିନ ପୂର୍ବରୁ ମା'ଙ୍କ କାଳେଶି ଘଟ ବୁଡ଼ାଇ ନୀତିକାନ୍ତିର ସହ ଦିନକୁ ଥରେ ମାତ୍ର ଅନ୍ନ ଗ୍ରହଣ କରି ୭ଟି ଗ୍ରାମରେ ମାଗୁଣି କରୁଥିଲେ। ମା'ଙ୍କ କରୁଣା ପାଇଁ ବହୁ ଶ୍ରଦ୍ଧାଳୁ ମାନସିକଧାରୀ ମା'ଙ୍କ ନିକଟରେ ଅଧିଆ ପଡ଼ିଥିଲେ। ଅପରାହ୍ନ ୨ଟା ୩୦ରେ ଝାମୁଯାତ୍ରା ହୋଇଥିଲା। ଏହି ଯାତ୍ରା ଦେଖିବାକୁ ହଜାର ହଜାର ସଂଖ୍ୟାରେ ଶ୍ରଦ୍ଧାଳୁଙ୍କ ସମାବେଶ ହୋଇଥିଲା। ସବୁ କାର୍ଯ୍ୟକୁ ମନ୍ଦିର ପୂଜାରୀ ସୁରେଶ ଶତପଥୀ ଦେଖାଶୁଣା କରିଥିଲେ।

**ଓଡ଼ିଶା ସରକାର**
**ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ**
**ଜନସାଧାରଣଙ୍କ ନିମନ୍ତେ ବିଶେଷ ସୂଚନା**
No. T-07: ଏତଦ୍ୱାରା ରାଜ୍ୟର ସମସ୍ତ ଜନସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ଆସନ୍ତା ସୋମବାର, ଇଂରାଜୀ **ତା14.04.2025ରିଖ** ସରକାରୀ ଛୁଟିଦିନ ଥିବାରୁ ୟୁନିଟ୍-୫, ଭୁବନେଶ୍ୱରସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠଠାରେ ମୁଖ୍ୟମନ୍ତ୍ରୀଙ୍କ **ଅଭିଯୋଗ ଶୁଣାଣି ବନ୍ଦ ରହିବ**। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ।
ଅତିରିକ୍ତ ମୁଖ୍ୟ ଶାସନ ସଚିବ
OIPR-09014/11/0086/2526 ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ

# ଛତୁଚାଷ ନେଇ ଚାଷୀଙ୍କୁ ପ୍ରଶିକ୍ଷଣ

ବାରଙ୍ଗ,୧୨।୪(ଲିଙ୍ଗରାଜ ରାଉତ)

ଛତୁଚାଷ ହେଉଛି ଏକ ବିକଳ୍ପ ବ୍ୟବସାୟର ରେଭିନ୍ୟୁ ମଡେଲ। ଧାନ ଏବଂ ଅନ୍ୟ ପାରମ୍ପରିକ ଚାଷ ସହିତ ଏହାକୁ ଆପଣାଇଲେ ବ୍ୟବସାୟିକ ଦୃଷ୍ଟିକୋଣରୁ ମଧ୍ୟ ଚାଷୀ ଅଧିକ ଉପାର୍ଜନ କରିପାରିବେ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ କୃଷି ବିଭାଗ ଆନୁକୂଲ୍ୟରେ ଶନିବାର ଛତୁ ଉତ୍ପାଦନ ଏବଂ ମୂଲ୍ୟ-ବୃଦ୍ଧି ଉତ୍ପାଦ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ଲାଣ୍ଟ ପାଥୋଲଜି ବିଭାଗର ସହକାରୀ ପ୍ରାଧ୍ୟାପକ ଡ. ଆର୍ଯ୍ୟ ଗୌତମ ପଣ୍ଡା ସମସ୍ତ ଚାଷୀଙ୍କୁ ସ୍ୱାଗତ କରିଥିଲେ। ବିଭାଗୀୟ ମୁଖ୍ୟ ଡ. ଚିନ୍ମୟୀ ମହାପାତ୍ର ଛତୁର ଉପକାରିତା ବିଷୟରେ ସୂଚନା ଦେଇଥିଲେ। ଉପସ୍ଥିତ ଚାଷୀଙ୍କୁ ଛତୁ ଆଚାର, ଛତୁ ମୁଡୁକି, ଛତୁ ସେଉ, ଛତୁ ପାମ୍ପଡ଼, ଛତୁ ପାଉଡର ଇତ୍ୟାଦି ପ୍ରସ୍ତୁତ କରି ବଜାରରେ ବିକ୍ରି କରିବା ସାଙ୍ଗକୁ ଆର୍ଥିକ କ୍ଷେତ୍ରରେ ସୁଦୃଢ଼ ହେବାକୁ ପରାମର୍ଶ ଦେଇଥିଲେ। କାର୍ଯ୍ୟକ୍ରମରେ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ କୃଷି ବିଭାଗ ଡିନ୍ ଡ. ଏସ୍ କୁମାରସ୍ୱାମୀ ଛତୁଚାଷ କରି ସ୍ୱାବଲମ୍ବୀ ହେବାକୁ ଉପସ୍ଥିତ ଚାଷୀଙ୍କୁ ପରାମର୍ଶ ଦେଇଥିଲେ। ପ୍ଲାଣ୍ଟ ପାଥୋଲଜି ବିଭାଗର ସହକାରୀ ପ୍ରାଧ୍ୟାପକ ଡ. ଦେବାଞ୍ଜନା ଦେବନାଥ, ଡ. ବୁଲବୁଲ ବବଲିନା ଓ ଡ. ଶୁଭ୍ରଜ୍ୟୋତି ପଣ୍ଡା ପ୍ରମୁଖ ଛତୁଚାଷର ଲାଭଜନକ ଦିଗ ସମ୍ପର୍କରେ ଦର୍ଶାଇଥିଲେ। ଶ୍ରୀଶ୍ରୀବିଶ୍ୱବିଦ୍ୟାଳୟ କୃଷି ବିଭାଗର ଚତୁର୍ଥ ବର୍ଷ 'ଅଭିଜ୍ଞତାରୁ ଶିକ୍ଷା' (ଏକ୍ସପେରିଏନ୍ସିଆଲ ଲର୍ନିଂ ପ୍ରୋଗ୍ରାମ) ଛତୁ ଉତ୍ପାଦନ ମଡେଲର ଛାତ୍ରୀଛାତ୍ରଙ୍କ ସାମୂହିକ ଉଦ୍ୟମ ଏହାକୁ ସଫଳ କରିବାରେ ସହାୟକ ହୋଇଥିଲା।

# କୈବର୍ତ୍ତ ସମାଜ ପାଳିଲେ ଚଇତି ପର୍ବ

ତ୍ରିଶୁଳିଆ,୧୨।୪(ତୁଷାରକାନ୍ତ ବେହେରା): ପବିତ୍ର ଚୈତ୍ର ପୂର୍ଣ୍ଣିମାକୁ ସମସ୍ତେ ଆନନ୍ଦ ଉଲ୍ଲାସରେ ପାଳନ କରୁଥିବାବେଳେ କୈବର୍ତ୍ତ ସମାଜ ପକ୍ଷରୁ ଏହାକୁ ସ୍ୱତନ୍ତ୍ର ଭାବେ ପାଳନ କରାଯାଇଛି। ଆମ ଅଞ୍ଚଳରେ ଚଇତି ପର୍ବକୁ ସାଧାରଣତଃ କୈବର୍ତ୍ତଙ୍କ ପୂଜା ବୋଲି ଧରି ନିଆଯାଇଥାଏ। ବାରଙ୍ଗ ବ୍ଲକ ଅଧୀନ ନରାଜ ଗ୍ରାମରେ ଶନିବାର କୈବର୍ତ୍ତ ଭଉଣୀଭାଇ ପ୍ରତ୍ୟୁଷରୁ ଉଠି ତାଙ୍କର ଆରାଧ୍ୟା ଦେବୀ ମା' ବାସେଳୀଙ୍କୁ ମନ୍ଦିରରେ ପ୍ରଥମେ ପୂଜାର୍ଚ୍ଚନା କରିବା ପରେ ନଦୀକୁ ଯାଇ କାଠୁଆ (ଡଙ୍ଗା) ପୂଜା କରିଥିଲେ। ନିଜ ନିଜର ଘରଦ୍ୱାର ଧୌତ କରିବା ସହ ଚିତା ପକାଇ ସଜ ବସାଇ ମା' ବାସେଳୀଙ୍କୁ ଆରାଧନା କରିବା ସହ ବିଭିନ୍ନ ପ୍ରକାର ପିଠାପଣା କରିଥିଲେ। ନିଜନିଜର ଜ୍ଞାତି ପରିଜନଙ୍କୁ ଏହିଦିନ ଘରେ ଡାକି ପିଠା ଖୁଆଇବା ଓ ପ୍ରଦାନ କରି ଆନନ୍ଦ ଅନୁଭବ କରିଥାନ୍ତି। ସନ୍ଧ୍ୟାରେ ସଜ ଉଠାଇ ପରଦିନ ସକାଳୁ ନିଜ ନିଜ ବେଉସାରେ ନଦୀକୁ ମାଛ ମାରିବାକୁ ଯାଆନ୍ତି।

# ଆଦୃତା ଶିଶୁ ସଦନ ଅନ୍ତେବାସୀଙ୍କୁ ସହାୟତା

ଭୁବନେଶ୍ୱର, ୧୨।୪ (ବନ୍ଦନା ସେଠୀ): ଓଡ଼ିଶା ଅଗ୍ନିଶମ ସେବା ଅବସରପ୍ରାପ୍ତ ଅଧିକାରୀ ସଂଘ ପକ୍ଷରୁ କଣ୍ଟାବାଡ଼ ଭଗବତୀପୁରସ୍ଥିତ ଆଦୃତା ଶିଶୁ ସଦନ (ଅସହାୟ)ରେ ସହାୟତା ପ୍ରଦାନ କରାଯାଇଛି। ସଦନର ୮୫ଜଣ ବାଳିକା ଅନ୍ତେବାସୀଙ୍କୁ ଗ୍ରୋସରି ସାମଗ୍ରୀ ବଣ୍ଟନ କରାଯାଇଥିଲା। ସଂଘ ସଭାପତି ଜିତେନ୍ଦ୍ର କୁମାର ପଟ୍ଟନାୟକଙ୍କ ନେତୃତ୍ୱରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସଂଘର ସାଧାରଣ ସମ୍ପାଦକ ରବୀନ୍ଦ୍ର କୁମାର ସ୍ୱାଇଁ, କୋଷାଧ୍ୟକ୍ଷ ପ୍ରଦୀପ କୁମାର ରାଉତ, ଉପଦେଷ୍ଟା ରାମଚନ୍ଦ୍ର ସାହୁ, କାର୍ଯ୍ୟନିର୍ବାହୀ ସଦସ୍ୟ ନବକୃଷ୍ଣ ମିଶ୍ର, ଅରୁଣ କୁମାର ଷଡ଼ଙ୍ଗୀ, ପ୍ରଭାତ କୁମାର ମହାପାତ୍ର ଏବଂ ପ୍ରଭାକର ସାହୁ ପ୍ରମୁଖ ଉପସ୍ଥିତ ଥିଲେ।




ଓଡ଼ିଶା ଅଗ୍ନିଶମ ସେବା ଅବସରପ୍ରାପ୍ତ ଅଧିକାରୀ ସଂଘ ପକ୍ଷରୁ ଆଦୃତା ଶିଶୁ ସଦନ (ଅସହାୟ)ଅନ୍ତେବାସୀଙ୍କୁ ସହାୟତା ପ୍ରଦାନ କରାଯାଉଛି।

# ଚିତ୍ରକଳା ପ୍ରଦର୍ଶନୀ 'ଆରମ୍ଭ' ବୁଲି ଦେଖିଲେ ଶିଳ୍ପୀ ଯତୀନ ଦାସ

ଭୁବନେଶ୍ୱର, ୧୨।୪ (ବନ୍ଦନା ସେଠୀ)

ଲଳିତକଳା ଏକାଡେମୀ ଆଞ୍ଚଳିକ କେନ୍ଦ୍ରଠାରେ ଧଉଳି ଚାରୁକଳା ମହାବିଦ୍ୟାଳୟର ୪ର୍ଥ ବର୍ଷ ଛାତ୍ରୀଛାତ୍ରଙ୍କ ଦ୍ୱାରା ସମସାମୟିକ ଚିତ୍ରକଳା ପ୍ରଦର୍ଶନୀ 'ଆରମ୍ଭ' ଅନୁଷ୍ଠିତ ହେଉଛି। ଶନିବାର ଚିତ୍ରଶିଳ୍ପୀ ପଦ୍ମବିଭୂଷଣ ଯତୀନ ଦାସ ଶିଳ୍ପୀ ତଥା ଛାତ୍ରୀଛାତ୍ରଙ୍କ କଳାକୃତିକୁ ବୁଲି ଦେଖିବା ସହ ପ୍ରଶଂସା କରିଥିଲେ। ଏହି ଅବସରରେ ଯତୀନ ନିଜ କଳା ଯାତ୍ରା ସମ୍ପର୍କରେ ଛାତ୍ରୀଛାତ୍ରଙ୍କୁ କହିବା ସହ ନିରବଚ୍ଛିନ୍ନ ଚିତ୍ର ଅଭ୍ୟାସ ଜାରି ରଖିବାକୁ ପରାମର୍ଶ ଦେଇଥିଲେ। ଆମ ଚାରିପାଖର ବିଷୟବସ୍ତୁକୁ ନେଇ ଓଡ଼ିଶାର ସମସାମୟିକ ଚିତ୍ରକଳା ବଳିଷ୍ଠ ହୋଇପାରିବ ବୋଲି ସେ ମତବ୍ୟକ୍ତ କରିଥିଲେ। ଏଥିସହ ଶିଳ୍ପୀମାନଙ୍କ ନିୟମିତ କଳା ଅଭ୍ୟାସ ଓ ନିଜସ୍ୱ ସୃଜନଶୀଳତା ଉପରେ ଅଧିକ ଗୁରୁତ୍ୱ ଦେଇଥିଲେ। ଛାତ୍ରୀଛାତ୍ରଙ୍କ ସହ କଳାକୃତି ସମ୍ପର୍କରେ ଆଲୋଚନା କରିବା ଅବସରରେ ସେ ନିଜ ଚିତ୍ର ପୁସ୍ତିକା ପ୍ରଦାନ କରିଥିଲେ। ଧଉଳି ଚାରୁକଳା ମହାବିଦ୍ୟାଳୟ ଅଧ୍ୟକ୍ଷ ଡ. ପଞ୍ଚାନନ ସାମଲ ଅତିଥି ପରିଚୟ ପ୍ରଦାନ ସହିତ ଶିଳ୍ପୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ।

# ଶିଶୁ ସାହିତ୍ୟିକ ଅରୁଣ ଚନ୍ଦ୍ର ମହାନ୍ତିଙ୍କୁ ସମ୍ବର୍ଦ୍ଧନା



ଅତିଥିମାନେ ଶିଶୁ ସାହିତ୍ୟିକ ଅରୁଣ ଚନ୍ଦ୍ର ମହାନ୍ତିଙ୍କୁ ସମ୍ବର୍ଦ୍ଧିତ କରୁଛନ୍ତି।

ପୁରୁଣା ଭୁବନେଶ୍ୱର,୧୨।୪(ସୁବାସ ଚନ୍ଦ୍ର ପ୍ରଧାନ)

ବାଲିଘର ସାହିତ୍ୟ ସଂସ୍କୃତି ପ୍ରତିଷ୍ଠାନ ତଥା ବାଲିଘର ଫାଉଣ୍ଡେଶନ ପକ୍ଷରୁ ବିଶିଷ୍ଟ ଶିଶୁ ସାହିତ୍ୟିକ ଅରୁଣ ଚନ୍ଦ୍ର ମହାନ୍ତିଙ୍କୁ ତାଙ୍କର ଜୀବନବ୍ୟାପୀ ଶିଶୁ ସାହିତ୍ୟ ସାଧନା ପାଇଁ ସମ୍ବର୍ଦ୍ଧିତ କରାଯାଇଛି। ଭୁବନେଶ୍ୱରସ୍ଥିତ ମହାନ୍ତିଙ୍କ ବାସଭବନରେ ଫାଉଣ୍ଡେଶନର ଅଧ୍ୟକ୍ଷ କୈଳାସ ଚନ୍ଦ୍ର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଏବଂ ବରିଷ୍ଠ ଶିଶୁ ସାହିତ୍ୟିକ ବଙ୍କିମ ଚନ୍ଦ୍ର ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସଭାରେ ମହାନ୍ତିଙ୍କୁ ମାନପତ୍ର, ଅଙ୍ଗବସ୍ତ୍ର ଓ ସମ୍ମାନସୂଚକ ଟ୍ରଫି ପ୍ରଦାନ କରାଯାଇଛି। ଏହି ସଭାରେ ଶିଶୁ ସାହିତ୍ୟିକ ରଘୁନନ୍ଦନ ମହାପାତ୍ର, ଜୟକୃଷ୍ଣ ସାହୁ, ରବୀନ୍ଦ୍ର କୁମାର ମହାପାତ୍ର, ବିଶ୍ୱମ୍ଭର ରାଉତ ପ୍ରମୁଖ ଯୋଗଦେଇ 'ଓଡ଼ିଆ ଶିଶୁ ସାହିତ୍ୟକୁ ଅରୁଣ ଚନ୍ଦ୍ର ମହାନ୍ତିଙ୍କ ଅବଦାନ' ଶୀର୍ଷକ ଆଲୋଚନାଚକ୍ରରେ ତାଙ୍କର ସାଧନା ଓ ସିଦ୍ଧି ସମ୍ପର୍କରେ ଆଲୋକପାତ କରିଥିଲେ। ଶିକ୍ଷାବିତ୍ କନକମଞ୍ଜରୀ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

**ବିଜ୍ଞାପନ ସଂ. ୩୨/୨୦୨୫**
**ଭାରତ ସରକାର**
**ସର୍ବସାଧାରଣ ଉଦ୍ୟୋଗ ଚୟନ ବୋର୍ଡ**
**ମେକନ୍ ଲିମିଟେଡ୍‌ରେ ନିର୍ଦ୍ଦେଶକ (ପ୍ରକଳ୍ପ)**
ପଦବୀ ପାଇଁ ଦରଖାସ୍ତ ଆହ୍ୱାନ କରୁଛନ୍ତି।
ଆବେଦନକାରୀଙ୍କ ଦ୍ୱାରା ଆବେଦନ ଦାଖଲ କରାଯିବାର ଶେଷ ତାରିଖ ହେଉଛି **୦୫ ମେ, ୨୦୨୫** (୧୫.୦୦ ଘଟିକା ସୁଦ୍ଧା)
ନୋଡାଲ୍ ଅଧିକାରୀଙ୍କ ଦ୍ୱାରା ଆବେଦନଗୁଡ଼ିକୁ ପିଇଏସ୍‌ବି ନିକଟକୁ ଫରୱାର୍ଡ କରାଯିବାର ଶେଷ ତାରିଖ ହେଉଛି **୧୪ ମେ, ୨୦୨୫** (୧୭.୦୦ ଘଟିକା ସୁଦ୍ଧା)।
ବିବରଣୀ ପାଇଁ https://pesb.gov.in ରେ ଲଗ୍ ଇନ୍ କରନ୍ତୁ।
CBC 40110/12/0001/2526

# ଡକ୍ଟରେଟ୍ ଉପାଧି ପାଇଁ ଅଚ୍ୟୁତଙ୍କୁ ସମ୍ବର୍ଦ୍ଧନା

ଭୁବନେଶ୍ୱର,୧୨।୪ (ସୁଚିସ୍ମିତା ସାହୁ)

କିଟ୍ ଓ କିସ୍ ପ୍ରତିଷ୍ଠାତା ଡକ୍ଟର ଅଚ୍ୟୁତ ସାମନ୍ତଙ୍କୁ ବ୍ରିଟେନର ସର୍ବପୁରାତନ ପ୍ରସିଦ୍ଧ ଶିକ୍ଷାନୁଷ୍ଠାନ ବକିଂହାମ୍ ବିଶ୍ୱବିଦ୍ୟାଳୟ ପକ୍ଷରୁ ସମ୍ମାନସୂଚକ ଡକ୍ଟରେଟ ଉପାଧି ପ୍ରଦାନ କରାଯାଇଛି। ଏହା ହେଉଛି ତାଙ୍କର ୬୫ତମ ଡକ୍ଟରେଟ୍। ଏହି ପରିପ୍ରେକ୍ଷୀରେ ଓଡ଼ିଶା ସଚେତନ ନାଗରିକ ଫୋରମ ଏବଂ ସଂସ୍କୃତି ଓ ସଂସ୍କୃତି ପକ୍ଷରୁ ଡ. ସାମନ୍ତଙ୍କୁ ସମ୍ବର୍ଦ୍ଧନା ଦିଆଯାଇଛି। ଅନୁଷ୍ଠାନର କର୍ମକର୍ତ୍ତାମାନେ ତାଙ୍କୁ ପୁଷ୍ପଗୁଚ୍ଛ ଓ ଉପଢୌକନ ପ୍ରଦାନ ପୂର୍ବକ ସମ୍ମାନିତ କରିଥିଲେ। ଅନୁଷ୍ଠାନର ସଭାପତି ପ୍ରଦୋଷ ପଟ୍ଟନାୟକ, ସମ୍ପାଦକ ଦିଲୀପ ହାଲି, ଯୁବନେତା ତନ୍ମୟ ସ୍ୱାଇଁ, ଆଇନଜୀବୀ ଅନିଲ ପରିଡା, ମନୋରଞ୍ଜନ ପ୍ରଧାନ ଓ ଶିକ୍ଷାବିତ ଅଶୋକ ପାଣ୍ଡେ ପ୍ରମୁଖ ଏହି ପ୍ରତିନିଧି ଦଳରେ ଯାଇଥିଲେ।



୬୫ତମ ଡକ୍ଟରେଟ୍ ସମ୍ମାନ ପାଇଥିବା ଅଚ୍ୟୁତ ସାମନ୍ତଙ୍କୁ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଉଛି।

**झारखण्ड सरकार**
**झारखण्ड खनिज क्षेत्र विकास प्राधिकार, धनबाद।**
**(लुबी सर्कुलर रोड, हीरापुर धनबाद 826001)**

**ई–प्रोक्योरमेन्ट सूचना अति अल्पकालिन (प्रथम आमंत्रण)**

ई–निविदा सूचना संख्या – **04/JMADA/2025-26** धनबाद, दिनांक – **11-04-2025**

| | | |
|---|---|---|
| 1 | निविदा आमंत्रित करने वाले पदाधिकारी का नाम/पदनाम :- | प्रबंध निदेशक, झारखंड खनिज क्षेत्र विकास प्राधिकार, धनबाद। |
| 2 | वेबसाइट पर निविदा प्रकाशन की तिथि | 16-04-2025 समय 02.00 बजे अपराहन् तक |
| 3 | निविदा प्राप्ति (ऑन लाईन बिडींग) की अन्तिम तिथि एवं समय | 05-05-2025 समय 04.00 बजे अपराहन् तक |
| 4 | सरकार के सचिव, सूचना प्रौद्योगिकी एवं ई–गवर्नेस, झारखंड मंत्रालय के ज्ञापांक–120 दिनांक–03.10.2023 के आलोक में विपत्र का मूल्य एवं अग्रधन का राशि ऑनलाईन जमा करने का अंतिम तिथि एवं समय | 05-05-2025 समय 04.00 बजे अपराहन् तक |
| 5 | तकनीकी बिड खोलने की तिथि एवं समय | 06-05-2025 समय 05:00 बजे अपराहन् |
| 6 | तकनीकी बिड खोलने का स्थान | तकनीकी सदस्य का कार्यालय झारखण्ड खनिज क्षेत्र विकास प्राधिकार, धनबाद। |
| 7 | निविदा आमंत्रित करने के सम्बन्ध में विशेष जानकारी हेतु सम्पर्क संख्या– | 9939842423 / 8789532628 |

| | कार्य का नाम | प्राक्कलित राशि (रू० में) | अग्रधन की राशि 2% | परिमाण विपत्र का मूल्य (रू० में) | कार्य पूर्ण करने की अवधि |
|---|---|---|---|---|---|
| 1 | Supplying, Installation, Testing and Commissioning of 3 MVA 11KV /3.3KV Copper Wound Out Door Type Power Transformer & its allied work at Damodar Head Works Jamadoba under JMADA, Dhanbad. | 1,29,33,000.00 | 2,58,700.00 | 10,000.00 | 06 माह |

नोट – केवल ई निविदा ही स्वीकार किये जायेंगे।
❖ उपरोक्त किसी तिथि को अवकाश घोषित होने पर अगले कार्य दिवस की तिथि को माना जायेगा।
❖ ऐसे संवेदक जिन्हें नगर विकास एवं आवास विभाग, झारखंड का निबंधन प्राप्त नहीं है वे भी निविदा में भाग ले सकते है बशर्ते कि वैसे सफल निविदादाता को एकरारनामा के पूर्व नगर विकास एवं आवास विभाग, झारखण्ड, में निबंधन पत्र प्राप्त कर लेना होगा।
❖ निविदा की सूचना तथा नियम शर्ते की जानकारी कार्यपालक अभियंता (जलापूर्ति), झारखंड खनिज क्षेत्र विकास प्राधिकार, धनबाद कार्यालय से प्राप्त की जा सकती है। निविदा की जानकारी के लिए वेवसाईट http://jharkhandtender.gov.in पर देखा जा सकता है।

ह0/–
कार्यपालक अभियंता,
झमाडा, धनबाद।

PR 350274 (Drinking Water and Sanitation) 25-26 (D)

No. CAD-99
OBCC
**ଓଡ଼ିଶା ସେତୁ ଓ ନିର୍ମାଣ ନିଗମ ଲିଃ.**
(ଓଡ଼ିଶା ସରକାରଙ୍କ ପୂର୍ତ୍ତ ବିଭାଗ ଅଧୀନର ଏକ ଉଦ୍ୟୋଗ)
**ODISHA BRIDGE & CONSTRUCTION CORPORATION LIMITED**
(A Government of Odisha Undertaking under Works Department)
No. 3776 Date: 10.04.25
File: SMT-2055 (Vol-II)

**NOTICE INVITING TENDER**

| | | | |
|---|---|---|---|
| 1. | Name of Work | : | Development and Beautification of Pathra Puskarinee near Alam Chandi Mandir, Puri under ABADHA Scheme |
| 2. | Bid Identification No. | : | 02/Tender/OBCC/2025-26 |
| 3. | Class of Contractor | : | "A" Class |
| 4. | Bid Processing Fee (Only in Online Mode) | : | Rs.11,800 (Including GST) |
| 5. | Date of availability of bid document in e-procurement portal | : | From Dt.15.04.2025 |
| 6. | Last date & time of receipt of online bid | : | Upto 05.00 P.M. of Dt.24.04.2025 |
| 7. | Date of Bid Opening | : | 25.04.2025 at 11.30 A.M. |
| 8. | Project Completion Duration | : | 6 (Six) Calendar Months |
| 9. | Further details can be seen from the e-Procurement portal **https://www.tendersodisha.gov.in**. | | |
| 10. | OBCC has the right to accept or reject the Notice/ DTCN without assigning any reasons thereof. | | |

Sd./- EIC-cum-Managing Director
OIPR-34106/11/0017/2526

## ସଂକ୍ଷେପରେ

### ବିଦ୍ୟାଳୟରେ ନିଶାମୁକ୍ତ ଭାରତ ଅଭିଯାନ କାର୍ଯ୍ୟକ୍ରମ

ତିଗିରିଆ,୧୨।୪(ଜାଫର ଖାଁ)

ତିଗିରିଆ ବ୍ଲକ୍ ଅନ୍ତର୍ଗତ ନିଜିଗଡ଼ ପଞ୍ଚାୟତସ୍ଥିତ ପବିତ୍ର ମୋହନ ସରକାରୀ ଉଚ୍ଚ ବିଦ୍ୟାଳୟରେ ଶନିବାର ନିଶାମୁକ୍ତ ଭାରତ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ମଣ୍ଡଳସ୍ତରୀୟ ତର୍କ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବିଇଓ ସିଙ୍ଗୋ ହାଁସଦା ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବେ ବିଆର୍‌ସିସି ମାଧବ ଚନ୍ଦ୍ର ଦେହୁରୀ, ବ୍ଲକ ନୋଡାଲ ପ୍ରଧାନ ଶିକ୍ଷକ ହୃଷୀକେଶ ବେହେରା ପ୍ରମୁଖ ଯୋଗଦେଇଥିଲେ। ଏହି ପ୍ରତିଯୋଗିତାରେ ୧୪ ଜଣ ବିଭିନ୍ନ ଉଚ୍ଚ ବିଦ୍ୟାଳୟର ଛାତ୍ରୀଛାତ୍ର ଭାଗନେଇଥିଲେ। ପ୍ରଥମ ସ୍ଥାନରେ ଭୋଳାଶଙ୍କର ବେହେରା, ୨ୟରେ ଛାତ୍ରୀ ଶ୍ରାବଣୀ ପ୍ରଧାନ, ଛାତ୍ରୀ ଅଙ୍କିତା ସାହୁ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଏହି ପ୍ରତିଯୋଗିତାରେ ବିଚାରକ ଭାବେ ଜେମାଦେଇପୁର ଉଚ୍ଚ ବିଦ୍ୟାଳୟର ଶିକ୍ଷକ ଜୟନ୍ତ କୁମାର ପାତ୍ର, ପବିତ୍ର ମୋହନ ସରକାରୀ ବିଦ୍ୟାଳୟର ଏନ୍‌ସିସି ଅଧିକାରୀ ଡ. ପ୍ରମୋଦ କୁମାର ସାହୁ ଯୋଗଦେଇଥିଲେ। ମୁଖ୍ୟ ଅତିଥି ହାଁସଦା ସମସ୍ତ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିବା ସହ ନିଶାମୁକ୍ତ ଭାରତ ଅଭିଯାନରେ ସରକାରଙ୍କ ପରିକଳ୍ପନାକୁ ପ୍ରକାଶ କରିଥିଲେ। ଏଥିସହ ଛାତ୍ରୀଛାତ୍ରଙ୍କୁ ସର୍ବଦା ନିଶାଠାରୁ ଦୂରେଇ ରହିବାକୁ ପରାମର୍ଶ ଦେବା ସହ ଅନ୍ୟମାନଙ୍କୁ ଏଥିପାଇଁ ଅନୁପ୍ରାଣିତ କରିବାକୁ ଆହ୍ୱାନ ଦେଇଥିଲେ।

### ରାଜରାଜେଶ୍ୱରୀ ବେଶରେ ଦର୍ଶନଦେଲେ ମା' ତାରିଣୀ



ନିଶ୍ଚିନ୍ତକୋଇଲି, ୧୨।୪
(ଅଶୋକ କୁମାର ମହାପାତ୍ର):

ନିଶ୍ଚିନ୍ତକୋଇଲି ସାପ୍ତାହିକ ହାଟରେ ଥିବା ମା' ତାରିଣୀଙ୍କ ପୀଠରେ ପବିତ୍ର ଚୈତ୍ର ପୂର୍ଣ୍ଣମୀ ଅବସରରେ ୨୯ତମ ବାର୍ଷିକ ଉତ୍ସବ ଆନନ୍ଦ ଉଲ୍ଲାସ ମଧ୍ୟରେ ଶନିବାର ପାଳିତ ହୋଇଯାଇଛି। ମା' ତାରିଣୀ ରାଜରାଜେଶ୍ୱରୀ ବେଶରେ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେଇଛନ୍ତି। ସକାଳୁ ମନ୍ଦିରରେ ପୂଜକ ଶୁକଦେବ ଷଡଙ୍ଗୀଙ୍କ ଦ୍ୱାରା ରୀତିନୀତି ଅନୁଯାୟୀ ପୂଜାର୍ଚ୍ଚନା କରାଯିବା ସହ ମା'ଙ୍କୁ ରାଜରାଜେଶ୍ୱରୀ ବେଶ କରାଇଥିଲେ। ଏହି ଅବସରରେ ଶୁକ୍ରବାର ଅଙ୍କୁରାରୋପଣ କରାଯାଇଥିଲା। ପୁଣ୍ୟତୋୟା ଚିତ୍ରୋତ୍ପଳା ନଦୀରୁ ହରିବୋଲ ହୁଳହୁଳି ଘଣ୍ଟ କାହାଳୀ ଧ୍ୱନିରେ କଳସ ଶୋଭାଯାତ୍ରା ଆସିଥିଲା। ଏହି କଳସଗୁଡ଼ିକୁ ଯଜ୍ଞମଣ୍ଡପରେ ସ୍ଥାପନ କରାଯାଇଥିଲା। ଶନିବାର ସକାଳେ ପାରମ୍ପରିକ ରୀତିନୀତି ଅନୁଯାୟୀ ମା'ଙ୍କ ଘଟଯାତ୍ରା, ମହାସ୍ନାନ, ଷୋଡଶ ଉପଚାର ପୂଜା କରାଯାଇଥିଲା। ଶ୍ରଦ୍ଧାଳୁ ଧୂପ, ଦୀପ, ନୈବେଦ୍ୟ ଦେଇ ମା'ଙ୍କ ପୂଜାର୍ଚ୍ଚନା କରିଥିଲେ। ଏହି ଅବସରରେ ଯଜ୍ଞ ଆରମ୍ଭ ହୋଇଥିଲା। ସନ୍ଧ୍ୟାରେ ମହାଆଳତି ହୋଇଥିଲା। ରାତ୍ରର ବିଳମ୍ବିତ ପ୍ରହରରେ ଯଜ୍ଞର ପୂର୍ଣ୍ଣାହୁତି ହୋଇଥିଲା। ରାତ୍ରରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଏହି ଉତ୍ସବକୁ ସଫଳ କରାଇବାରେ ସ୍ଥାନୀୟ ଗ୍ରାମବାସୀ ସହଯୋଗ କରିଥିଲେ।

# ଦାଣ୍ଡଯାତ୍ରାରେ ବିଜେ କଲେ ଶ୍ରୀରଘୁନାଥ



ଦାଣ୍ଡ ଯାତ୍ରାରେ ଶ୍ରୀରଘୁନାଥ ବାହାରିଛନ୍ତି ।



ଯାତ୍ରାରେ ବେଶଧାରୀମାନେ ସୁଆଙ୍ଗ ପରିବେଷଣ କରୁଛନ୍ତି ।

- ଶ୍ରୀରଘୁନାଥ, ଦଧିବାମନଙ୍କ ମହାମିଳନ
- ରଘୁନାଥ ବେଶରେ ଦର୍ଶନ ଦେଲେ ଦଧିବାମନ
- ହନୁମାନ, କାଳିଶି ମହାପ୍ରଭୁଙ୍କ ଟ୍ରାଫିକ୍ ନିୟନ୍ତ୍ରଣ କଲେ
- ମାନସିକ ଦାଣ୍ଡ ଭୋଗ, ମାନସିକ ବାଣ ଫୁଟାଇବାକୁ ଭିଡ଼

ନିଶ୍ଚିନ୍ତକୋଇଲି, ୧୨।୪
(ଅଶୋକ କୁମାର ମହାପାତ୍ର)

ଓଡ଼ିଶା ପ୍ରସିଦ୍ଧ କଟକ ଜିଲା ନିଶ୍ଚିନ୍ତକୋଇଲି ବ୍ଲକ ଅସୁରେଶ୍ୱର ଦାଣ୍ଡଯାତ୍ରା ଶନିବାର ଅନୁଷ୍ଠିତ ହୋଇଯାଇଛି। ବର୍ଷକ ବାରମାସରେ ଶ୍ରୀରଘୁନାଥ ମହାପ୍ରଭୁଙ୍କ ୧୩ ଯାତ ହୋଇଥାଏ। କିନ୍ତୁ ଚୈତ୍ର ପୂର୍ଣ୍ଣମୀ ଦିନ ସବୁବର୍ଗ ମାନସିକଧାରୀଙ୍କ ପାଇଁ ଦାଣ୍ଡ ବିଜେ କରିଥାନ୍ତି ମର୍ଯ୍ୟାଦା ପୁରୁଷୋତ୍ତମ ଶ୍ରୀରାମ, ଭାଇ ଲକ୍ଷ୍ମଣ ଓ ମା' ସୀତା। ଦାଣ୍ଡ ବିଜେ ସମୟରେ ଆବାଳ ବୃଦ୍ଧ ବନିତାଙ୍କୁ ପ୍ରଭୁ ଦର୍ଶନ ଦେଇଥାନ୍ତି। ମାନସିକ ଦାଣ୍ଡ ଭୋଗ ଖାଇ ଶୁଭାଶୀର୍ବାଦ ଦେଇଥାନ୍ତି। ତେଣୁ ଭକ୍ତ ଓ ଭଗବାନଙ୍କ ଅପୂର୍ବ ମିଳନ ହେତୁ ଏହି ଯାତ୍ରାକୁ ଦାଣ୍ଡଯାତ୍ରା କୁହାଯାଏ ବୋଲି କିମ୍ବଦନ୍ତୀ ରହିଆସିଛି। ମହାପ୍ରଭୁ ଶ୍ରୀରଘୁନାଥଙ୍କ ଦାଣ୍ଡ ବିଜେ ସମୟରେ ଓଡ଼ିଶାର କୋଣ ଅନୁକୋଣରୁ ଲକ୍ଷାଧିକ ଶ୍ରଦ୍ଧାଳୁ ଯୋଗଦେଇ ଦର୍ଶନ କରିବା ସହ ମାନସିକ ଦାଣ୍ଡଭୋଗ ଲାଗି କରାଇବା ସହ ମାନସିକ ବାଣ ରାତିରେ ଫୁଟାଇଛନ୍ତି। ଅପରପକ୍ଷରେ ଦଧିବାମନ ମହାପ୍ରଭୁ ଶ୍ରୀରଘୁନାଥ ବେଶରେ ସୁସଜ୍ଜିତ ହୋଇ ଶ୍ରଦ୍ଧାଳୁଙ୍କ ଦର୍ଶନ ଦେଇଛନ୍ତି। ଉଭୟ ରଘୁନାଥ ଓ ଦଧିବାମନଙ୍କ ମହାମିଳନ ହୋଇଛି।

ଶ୍ରୀ ଶ୍ରୀରଘୁନାଥ ଜୀଉ ଟ୍ରଷ୍ଟବୋର୍ଡ ମ୍ୟାନେଜିଂ ଟ୍ରଷ୍ଟି ପ୍ରକାଶ ଚନ୍ଦ୍ର ସାହୁଙ୍କ ତତ୍ତ୍ୱାବଧାନରେ ପ୍ରଭାତରୁ ଶ୍ରୀରଘୁନାଥଙ୍କ ଯଥାରୀତି ପୂଜାର୍ଚ୍ଚନା କରାଯାଇ ମଧ୍ୟାହ୍ନ ଧୂପ ଓ ସନ୍ଧ୍ୟାରେ ମହାଆଳତି ପରେ ମହାପ୍ରଭୁ ଶ୍ରୀରାମଚନ୍ଦ୍ର, ମା' ସୀତା ଓ ଲକ୍ଷ୍ମଣଙ୍କୁ ପୂଜକ ସେବକମାନେ ସୁସଜ୍ଜିତ କରି ରତ୍ନ ସିଂହାସନରୁ ଶୋଭାଯାତ୍ରାରେ ନାଟ ମଣ୍ଡପକୁ ନେଇଥିଲେ। ସେଠାରେ ଥିବା ସୁସଜ୍ଜିତ ବିମାନରେ ୩ ଠାକୁରଙ୍କୁ ଅବସ୍ଥାନ କରାଯିବା ପରେ ମନ୍ଦିରର ମୁଖ୍ୟ ପୂଜକ ମନମୋହନ ପତି ପାରମ୍ପରିକ ରୀତିନୀତି ଅନୁଯାୟୀ ଧୂପ, ଦୀପ, ନୈବେଦ୍ୟ ଅର୍ପଣ କରିଥିଲେ। ପରେ ବିମାନକୁ ଶୋଭାଯାତ୍ରାରେ ମେଳଣ ପଡିଆ ଅଭିମୁଖେ ନିଆଯାଇଥିଲା। ଏହି ସମୟରେ ମହାପ୍ରଭୁଙ୍କୁ ଦାଣ୍ଡ ଭୋଗ ଲାଗି କରାଇବାକୁ ବହୁ ଶ୍ରଦ୍ଧାଳୁଙ୍କ ଭିଡ଼ ପରିଲକ୍ଷିତ ହୋଇଥିଲା। ହଠାତ ୧୫୦ରୁ ଊର୍ଦ୍ଧ୍ୱ ହନୁମାନ ବେଶଧାରୀ ଓ କାଳିକା ପଡିଆ ମଧ୍ୟରେ କ୍ଷୀପ୍ର ଗତିରେ ପ୍ରବେଶ କରି ଟ୍ରାଫିକ୍ ନିୟନ୍ତ୍ରଣ କରି ମହାପ୍ରଭୁଙ୍କୁ ଦଧିବାମନ ମନ୍ଦିର ଅଭିମୁଖେ ନେଇଯାଇଥିଲେ। ଦାଣ୍ଡ ବିଜେ ସମୟରେ ମେଳଣ ପଡ଼ିଆରେ ଶ୍ରୀରାମ, ସୀତା, ଲକ୍ଷ୍ମଣ ଓ ରାବଣ ପ୍ରମୁଖ ସୁଆଙ୍ଗମାନେ ଅନ୍ୟ ୪ଟି ବିମାନରେ ଦଧିବାମନ ଅଭିମୁଖେ ଯାତ୍ରା କରିଥିଲେ। ଏହି ସମୟରେ ହଜାର ହଜାର ଶ୍ରଦ୍ଧାଳୁ ମାନସିକ ବାଣ ଫୁଟାଇ ଥିଲେ। ବିମାନ ଦଧିବାମନ ମନ୍ଦିରରେ ପହଞ୍ଚିବା ପରେ ଦଧିବାମନ ରଘୁନାଥ ବେଶ ହୋଇ ଦର୍ଶନ ଦେଇଥିଲେ। ଉଭୟ ରଘୁନାଥ ଓ ଦଧିବାମନଙ୍କ ମହାମିଳନ କରାଯାଇଥିଲା। ପରେ ସୁଆଙ୍ଗମାନଙ୍କ ଦ୍ୱାରା ନାଗଫାଶ ବନ୍ଧନ ରାମଲୀଳା ଅନୁଷ୍ଠିତ ହୋଇଥିଲା। ମୋଟାମୋଟି ଭାବେ ଅସୁରେଶ୍ୱର ଦାଣ୍ଡଯାତ୍ରା ଶ୍ରଦ୍ଧାଳୁଙ୍କ ହରିବୋଲ ହୁଳହୁଳି ଓ ଜୟ ଶ୍ରୀରାମ ଧ୍ୱନୀରେ ପ୍ରକମ୍ପିତ ହୋଇଥିଲା। ଅନୁଷ୍ଠାନ ପକ୍ଷରୁ ଆଇନ ଶୃଙ୍ଖଳା ଦୃଷ୍ଟିରୁ ତହସିଲଦାର ଅନିତା ନାୟକ, ନିଶ୍ଚିନ୍ତକୋଇଲି ଆଇଆଇସି ଯୁଗଳ କିଶୋର ଦାସ, ୩ ପ୍ଲାଟୁନ ପୋଲିସ ଫୋର୍ସ, ୩ ଡିଏସ୍‌ପି, ୪ ଆଇଆଇସି, ୧୫ ଜଣ ଅଫିସର ଯାତ୍ରା ନିୟନ୍ତ୍ରଣ କରିଥିଲେ। ଅଗ୍ନିଶମ ବାହିନୀ ପକ୍ଷରୁ ୨ଟି ଦମକଳ ଗାଡି, ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଅସ୍ଥାୟୀ ସ୍ୱାସ୍ଥ୍ୟକେନ୍ଦ୍ର ସହ ଓଆରଏସ୍ ପ୍ରଦାନ, ପରିମଳ ବିଭାଗ ପକ୍ଷରୁ ପାନୀୟ ଜଳ ବ୍ୟବସ୍ଥା କରାଯାଇଛି। ଅନୁଷ୍ଠାନ ପକ୍ଷରୁ ସରପଞ୍ଚ ଅନ୍ନଦା ନାୟକ, ତୃପ୍ତିମୟୀ ନାୟକ, ଗୌତମୀ ଦାସ, କିଶୋର କୁମାର ରାଉତରାୟ, ଅନନ୍ତ ଦାସ, ଚିନ୍ମୟ କୁମାର ରାଉତରାୟ, ବିଜୟ କୁମାର ସାହୁ, ପ୍ରଭାତ କୁମାର ରଥ ପ୍ରମୁଖ ବହୁ ଲୋକପ୍ରତିନିଧି ଓ ସ୍ୱେଚ୍ଛାସେବୀ ନିଜ ନିଜ ଦାୟିତ୍ୱ ସମ୍ପାଦନ କରିଥିଲେ। ମୋଟାମୋଟି ଭାବେ ଶାନ୍ତି ଶୃଙ୍ଖଳାର ସହ ଏହି ଦାଣ୍ଡଯାତ୍ରା ଶେଷ ହୋଇଛି।

## ବାଉତି ପୀଠରେ ଝାମୁଯାତ୍ରା

ଆଠଗଡ଼, ୧୨।୪(ସତ୍ୟ ପ୍ରସାଦ ରଥ)

ପବିତ୍ର ଚୈତ୍ର ପୂର୍ଣ୍ଣମା ଅବସରରେ ଆଠଗଡ଼ ଗଡ଼ଜାତର ଅଧିଷ୍ଠାତ୍ରୀ ଦେୀ ମା' ବାଉତି ପୀଠରେ ଝାମୁଯାତ୍ରା ଶନିବାର ସମ୍ପନ୍ନ ହୋଇଯାଇଛି। ଏହି ଅବସରରେ ପାରମ୍ପରିକ ରୀତିନୀତି ବିଧିବିଧାନ ପୂର୍ବକ ସ୍ନାନ, ଆରତି, ପଣା ଲାଗି ଆଦି ନୀତି ସରିବା ପରେ ମା'ଙ୍କ ଘଟକୁ ଶୋଭାଯାତ୍ରାରେ ସହର ପରିକ୍ରମାକରି ନିକଟସ୍ଥ ଭାଗୀରଥି ସାଗରରେ ସ୍ନାନ କରିଥିଲେ। ପରେ ପୂଜକ ଶରତ ଚନ୍ଦ୍ର ପଣ୍ଡା ମା'ଙ୍କ ଆଜ୍ଞାମାଳ ଦାନ କାର୍ଯ୍ୟ ସମାପନ କରିବା ପରେ ମାନସିକଧାରୀ ଦଣ୍ଡ ପାଟୁଆମାନେ ନିଆଁ ଗର୍ତ୍ତରେ ଚାଲି ଥିଲେ। ୨ଦିନ ପୂର୍ବରୁ ମାନସିକଧାରୀମାନେ ଉପବାସ ରହି ବ୍ରତ ପାଳନକରି ମା'ଙ୍କ ଶରଣାପନ୍ନ ରହି ସମସ୍ତ ନୀତି ପାଳନ କରିବା ପରେ ଆଠଗଡ଼ ସହରସ୍ଥିତ ଦୁର୍ଗା ବଜାର ପଡ଼ିଆଠାରେ ଯାତ୍ରା ଅନୁଷ୍ଠିତ ହୋଇଥିଲା। ଝାମୁଯାତ୍ରା ଦେଖିବାକୁ ଆଖପାଖ ଅଞ୍ଚଳରେ ବହୁ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା। ଏହି ପରିପ୍ରେକ୍ଷୀରେ ଆଠଗଡ଼ କୈବର୍ତ୍ତ ସମାଜ, ଗଦାସାହି ଯୁକ ସଂଘ, ଆଠଗଡ ଏନ୍‌ଏସି ବିଜେଡି, ଆଠଗଡ଼ ସେବା ସଂଘ ପକ୍ଷରୁ ଭକ୍ତମାନଙ୍କୁ ପଣା ବଣ୍ଟନ କରାଯାଇଥିଲା। ଉତ୍ସାହୀ ଭକ୍ତମାନଙ୍କ ପକ୍ଷରୁ ଭଜନ ସମାରୋହ ଅନୁଷ୍ଠିତ ହୋଇଥିଲା। ପରେ ଆଠଗଡ଼ କୈବର୍ତ୍ତ ସମାଜ ପକ୍ଷରୁ ପାରମ୍ପରିକ ଘୋଡ଼ାନାଚ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମ ୨ଦିନ ଧରି ଚାଲିବ ବୋଲି କମିଟିର ସଭାପତି ଭ୍ରମରବର ସାହୁ ସୂଚନା ଦେଇଛନ୍ତି। ଗହଳିକୁ ଦେଖି ଆଠଗଡ଼ ପୋଲିସ ପକ୍ଷରୁ ବ୍ୟାପକ ଆୟୋଜନ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମରେ ଆଠଗଡ଼ ଏନ୍‌ଏସି ଅଧ୍ୟକ୍ଷା ସସ୍ମିତା ରାଉତ, ଉପାଧ୍ୟକ୍ଷ ବି ଶୁଭ୍ର ଶଙ୍କର ଜ୍ୟୋତି, ଆଠଗଡ଼ ସେବା ସଂଘର ସଭାନେତ୍ରୀ ରଞ୍ଜିତା ଭକ୍ତା ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ।



କାଳିଶି ନିଆଁରେ ଚାଲୁଛନ୍ତି ।

# ନର୍ସିଂହୋମ୍‌ରେ ପ୍ରସୂତିଙ୍କ ମୃତ୍ୟୁକୁ ନେଇ ଉତ୍ତେଜନା



ପ୍ରସୂତିଙ୍କ ମୃତ୍ୟୁ ପରେ ନର୍ସିଂହୋମ୍ ସମ୍ମୁଖରେ ଉତ୍ତେଜନା ପ୍ରକାଶ ପାଇଛି ।

ସାଲେପୁର,୧୨।୪(ଅରବିନ୍ଦ ଭୂୟାଁ)

ସାଲେପୁର ଥାନା ଅନ୍ତର୍ଗତ ଏକ ନର୍ସିଂହୋମରେ ଶନିବାର ପ୍ରସୂତିଙ୍କ ମୃତ୍ୟୁକୁ ନେଇ ଉତ୍ତେଜନା ପ୍ରକାଶ ପାଇଛି। ଚିକିତ୍ସାରେ ଅବହେଳା ଯୋଗୁ ମହିଳାଙ୍କ ମୃତ୍ୟୁ ଘଟିଛି ବୋଲି ସ୍ୱାମୀ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ନର୍ସିଂହୋମରେ ଚାଲିଥିବା ଉତ୍ତେଜନା ପୋଲିସ ପହଞ୍ଚି ବୁଝାଶୁଝା କରିବା ପରେ ପରିସ୍ଥିତି ଶାନ୍ତ ପଡିଛି।

ପୋଲିସ ସୂଚନା ମୁତାବକ, ସାଲେପୁର ଥାନା ଅନ୍ତର୍ଗତ ଛାଣିପୁର ପଞ୍ଚାୟତର ରାମକୃଷ୍ଣପୁର ଗ୍ରାମର ପତିତପାବନ ନାୟକ ସ୍ତ୍ରୀ ନନ୍ଦିନୀ ସ୍ୱାଇଁଙ୍କ ଶୁକ୍ରବାର ଗର୍ଭ ଜନିତ ଯନ୍ତ୍ରଣା ହେବାରୁ ତାଙ୍କୁ ସପନପୁରଠାରେ ଥିବା ଶ୍ରୀରାମ ନର୍ସିଂହୋମ୍‌ରେ ଭର୍ତ୍ତି କରିଥିଲେ। ଡାକ୍ତର ସେଠାରେ ନନ୍ଦିନୀଙ୍କ ଅସ୍ତ୍ରୋପଚାର କରି ଏକ ପୁତ୍ର ସନ୍ତାନକୁ ଜନ୍ମ କରାଇଥିଲେ। ଜନ୍ମର କିଛି ଘଣ୍ଟା ପରେ ହଠାତ୍ ନନ୍ଦିନୀ ଛାତିରେ ଯନ୍ତ୍ରଣା ଅନୁଭବ କରିଥିଲେ। ଏ ସମ୍ପର୍କରେ ନନ୍ଦିନୀ ସ୍ୱାମୀଙ୍କୁ କହିବା ପରେ ପତିତପାବନ ନର୍ସିଂହୋମ୍‌ର କର୍ମଚାରୀଙ୍କୁ ଯୋଗାଯୋଗ କରିଥିଲେ। ହେଲେ ରାତିରେ ଡାକ୍ତର ନ ଥିବାରୁ ନନ୍ଦିନୀଙ୍କ ଚିକିତ୍ସା ହୋଇ ପାରି ନ ଥିଲା। ଫଳରେ ରାତିତମାମ ନନ୍ଦିନୀ ଯନ୍ତ୍ରଣାରେ ଛଟପଟ ହୋଇଥିଲେ। ଶନିବାର ସକାଳେ ଡାକ୍ତର ଆସି ନନ୍ଦିନୀଙ୍କୁ ଇଞ୍ଜେକଶନ ଓ ସାଲାଇନ୍ ଲଗାଇବାର କିଛି ସମୟ ପରେ ତାଙ୍କର ମୃତ୍ୟୁ ଘଟିଥିଲା। ନନ୍ଦିନୀଙ୍କ ମୃତ୍ୟୁକୁ ନେଇ ସେଠାରେ କିଛି ସମୟ ଉତ୍ତେଜନା ଦେଖା ଦେଇଥିଲା। ଅପରପକ୍ଷରେ ଡାକ୍ତର ଚିକିତ୍ସା ଅଭାବରୁ ନନ୍ଦିନୀଙ୍କ ମୃତ୍ୟୁ ଘଟିଥିବା ପତିତପାବନ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ପୋଲିସ ଘରୋଇ ନର୍ସିଂହୋମ୍‌ରେ ପହଞ୍ଚି ମୃତଦେହକୁ ଜବତ କରି ଉତ୍ତେଜିତ ଲୋକଙ୍କୁ ବୁଝାଶୁଝା କରିବା ସହ ନଂ.୧୫୫/୨୫ରେ ମାମଲା ରୁଜୁ କରି ଘଟଣାର ତଦନ୍ତ ଚାଲୁ ରଖିଛନ୍ତି। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ମୁଖ୍ୟ ଚର୍ଚ୍ଚାର ବିଷୟ ହୋଇଛି। ଅପର ପକ୍ଷରେ ନର୍ସିଂହୋମ୍ ମାଲିକ ବସନ୍ତ କୁମାର ବିଶ୍ୱାଳଙ୍କୁ ପଚାରିବାରୁ ରୋଗୀଙ୍କ ଉପଯୁକ୍ତ ଚିକିତ୍ସା କରାଯାଇଥିଲେ ମଧ୍ୟ କ'ଣ ପାଇଁ ତାଙ୍କର ମୃତ୍ୟୁ ଘଟିଲା, ସେ ଜାଣି ପାରି ନ ଥିବା କହିଛନ୍ତି।

## ସଞ୍ଜୀୟଙ୍କ ପରଲୋକ ଅଞ୍ଚଳ ପାଇଁ ଅପୂରଣୀୟ କ୍ଷତି

ମାଣିଆବନ୍ଧ, ୧୨।୪
(ଅଖିଳ କୁମାର ସାହୁ):

ବଡ଼ମ୍ବା ବ୍ଲକ ବାଙ୍ଗରସିଂହା ଗାଁର ପୂର୍ବତନ ସରପଞ୍ଚ, ବାଦଶାହ କ୍ଲବ ସଭାପତି, ସମବାୟ ସମିତି ସଭାପତି ତଥା କଟକ ଜିଲା ଯୁବ ବିଜେଡି ଉପସଭାପତି ସଞ୍ଜୀୟ କୁମାର ସ୍ୱାଇଁଙ୍କ ଦ୍ୱାଦଶାହ ଅବସରରେ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଯାଇଛି। ତାଙ୍କର ଅକାଳ ବିୟୋଗ ଅଞ୍ଚଳ ପାଇଁ ଅପୂରଣୀୟ କ୍ଷତି ହୋଇଥିବା ପ୍ରକାଶ କରିବା ସହ ଶ୍ରଦ୍ଧାସୁମନ ଅର୍ପଣ କରିବା ଅବସରରେ ଅତିଥିମାନେ କହିଛନ୍ତି। ବ୍ଲକ୍ ନିକଟସ୍ଥ କଚେରି ପଡ଼ିଆରେ ଅନୁଷ୍ଠିତ ସଭାକୁ ପ୍ରଦୀପ ସ୍ୱାଇଁ, ବିରଞ୍ଚି ଜେନା, ବୁଲୁ ପାଟଶାଣୀଙ୍କ ସମେତ ବାଦଶାହ କ୍ଲବ୍‌ର ସଦସ୍ୟମାନେ ଏହାକୁ ସଂଯୋଜନା କରିଥିଲେ। ଏଥିରେ ପୂର୍ବତନ ବିଧାୟକ ଦେବୀପ୍ରସାଦ ମିଶ୍ର, କଟକ ଜିଲା ପରିଷଦ ସଭାପତି କିଶୋର ମିଶ୍ର, ବାଙ୍କୀ ଶୀର୍ଷ ବ୍ୟାଙ୍କ ସଭାପତି ସୁବାସ ଚନ୍ଦ୍ର ପାଢ଼ୀ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ବିବେକାନନ୍ଦ ମଲ୍ଲିକ, ପରମାନନ୍ଦ ସେଠୀ, ସାମାଜିକ କର୍ମୀ ପ୍ରସନ୍ନ ଶତପଥୀ, ମୁରଲୀ ଦେବତା, ରଜନୀକାନ୍ତ ବଳବନ୍ତରାୟ ପ୍ରମୁଖ ଯୋଗଦେଇଥିଲେ। ଅତିଥିମାନେ ସଞ୍ଜୀୟଙ୍କ ସ୍ମୃତିଚାରଣ କରିବା ସହ ଏକ ସ୍ମରଣିକା ଲୋକାର୍ପଣ କରିଥିଲେ। ଦୁଇପୁଅ ବିଶ୍ୱଜିତ ଅଭିଜିତ, ଶାଳକ ପିପିଲି ବିଡିଓ ଏବଂ ପରିବାର ପକ୍ଷରୁ ସ୍ମୃତିଚାରଣ ସଭାରେ ଯୋଗଦେଇଥିବା ସମସ୍ତ ପରିବାରକୁ କୃତଜ୍ଞତା ଜଣାଇଥିଲେ।

# ମଦ, ପୋଚ ନଷ୍ଟ କଲା ଅବକାରୀ ବିଭାଗ

ତିଗିରିଆ,୧୨।୪(ଜାଫର ଖାଁ)

ତିଗିରିଆ ଥାନା ଅନ୍ତର୍ଗତ ଭିରୁଡ଼ା ପଞ୍ଚାୟତର ଭିରୁଡ଼ା ପଞ୍ଚାୟତ ସ୍ଥିତ ଭିରୁଡ଼ା, ପାଇକସାହି, ଗୋଡ଼ିଝରିଆ, ଗରପଡ଼ା ଗ୍ରାମରେ ଜିଲା ଅବକାରୀ ଅଧୀକ୍ଷକ କରୁଣା ଶଙ୍କର ତିୱାରୀଙ୍କ ନିର୍ଦ୍ଦେଶକ୍ରମେ ଓ ଆଠଗଡ଼ ଅବକାରୀ ଉପ ଅଧୀକ୍ଷକ ସି.ଏଚ୍. ତିରୁପତିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଚଢ଼ାଉ କରାଯାଇଥିଲା। ଏହି କାର୍ଯ୍ୟରେ ଆଠଗଡ଼ ଅବକାରୀ ବିଭାଗ, ବାଙ୍କୀ ଅବକାରୀ ଥାନା, ସଦର ଅବକାରୀ ବିଭାଗ, ଜିଲା ମୋବାଇଲ ୟୁନିଟ୍ ଅବକାରୀ ବିଭାଗ ସହଯୋଗରେ ଚଢ଼ାଉ କରାଯାଇଥିଲା। ଏହି ଚଢ଼ାଉରେ ୨,୨୦୫ ଲିଟର ଦେଶୀ ମଦ ସହ ୨୦,୪୪୦ ଲିଟର ମଦ ପ୍ରସ୍ତୁତ ନିମନ୍ତେ ବ୍ୟବହୃତ ହେଉଥିବା ଗୁଡ ପୋଚକୁ ଘଟଣାସ୍ଥଳରେ ନଷ୍ଟ କରାଯାଇଛି। ଏହି ଚଢ଼ାଉରେ କାହାକୁ ଗିରଫ କରାଯାଇ ନ ଥିବାବେଳେ ୫ ମାମଲା ରୁଜୁ କରାଯାଇଥିବା ଅବକାରୀ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ଏହି ଚଢ଼ାଉରେ ଅନ୍ୟମାନଙ୍କ ମଧ୍ୟରେ ଆଠଗଡ଼ ଅବକାରୀ ନିରୀକ୍ଷକ ରବିନାରାୟଣ ପ୍ରଧାନ, ଜିଲା ମୋବାଇଲ ୟୁନିଟ୍ ଅବକାରୀ ଆଇଆଇସି ଅଭିରାମ ସାହୁ, ଆଠଗଡ ଅବକାରୀ ଉପ ନିରୀକ୍ଷକ ଅରୁଣ ଭୋଇ, ବାଙ୍କୀ ଅବକାରୀ ଉପ ନିରୀକ୍ଷକ ସୌମ୍ୟରଞ୍ଜନ ମାଝୀ, କଟକ ୧ ଅବକାରୀ ଉପ ନିରୀକ୍ଷକ ତରୁଣ ପାତ୍ର, ଜିଲା ମୋବାଇଲ ଅବକାରୀ ଉପ ନିରୀକ୍ଷକ ଶେଫାଳି ସାହୁଙ୍କ ସମେତ ଅବକାରୀ ବିଭାଗ କର୍ମଚାରୀ ଉପସ୍ଥିତ ଥିଲେ।



ଅବକାରୀ ବିଭାଗ କର୍ମଚାରୀ ପୋଚ ଓ ମଦ ନଷ୍ଟ କରୁଛନ୍ତି ।


ଓଡ଼ିଶା ସରକାର
ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ
ଜନସାଧାରଣଙ୍କ ନିମନ୍ତେ ବିଶେଷ ସୂଚନା

No. T-07: ଏତଦ୍ୱାରା ରାଜ୍ୟର ସମସ୍ତ ଜନସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ଆସନ୍ତା ସୋମବାର, ଇଂରାଜୀ ତା**14.04.2025**ରିଖ ସରକାରୀ ଛୁଟିଦିନ ଥିବାରୁ ୟୁନିଟ୍-୫, ଭୁବନେଶ୍ୱରସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠଠାରେ ମୁଖ୍ୟମନ୍ତ୍ରୀଙ୍କ **ଅଭିଯୋଗ ଶୁଣାଣି ବନ୍ଦ ରହିବ**। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ।

ଅତିରିକ୍ତ ମୁଖ୍ୟ ଶାସନ ସଚିବ
OIPR-09014/11/0086/2526 ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ



ବିଜ୍ଞାପନ ସଂ. ୩୨/୨୦୨୫
ଭାରତ ସରକାର
ସର୍ବସାଧାରଣ ଉଦ୍ୟୋଗ ଚୟନ ବୋର୍ଡ
ମେକନ୍ ଲିମିଟେଡ୍‌ରେ
ନିର୍ଦ୍ଦେଶକ (ପ୍ରକଳ୍ପ)
ପଦବୀ ପାଇଁ ଦରଖାସ୍ତ ଆହ୍ୱାନ କରୁଛନ୍ତି ।
ଆବେଦନକାରୀଙ୍କ ଦ୍ୱାରା ଆବେଦନ ଦାଖଲ କରାଯିବାର ଶେଷ ତାରିଖ ହେଉଛି **୦୫ ମେ, ୨୦୨୫** (୧୫.୦୦ ଘଟିକା ସୁଦ୍ଧା)
ନୋଡାଲ୍ ଅଧିକାରୀଙ୍କ ଦ୍ୱାରା ଆବେଦନଗୁଡ଼ିକୁ ପିଇଏସ୍‌ବି ନିକଟକୁ ଫରୱାର୍ଡ କରାଯିବାର ଶେଷ ତାରିଖ ହେଉଛି
**୧୪ ମେ, ୨୦୨୫** (୧୭.୦୦ ଘଟିକା ସୁଦ୍ଧା) ।
ବିବରଣୀ ପାଇଁ https://pesb.gov.in ରେ ଲଗ୍ ଇନ୍ କରନ୍ତୁ ।
CBC 40110/12/0001/2526



झारखण्ड सरकार
झारखण्ड खनिज क्षेत्र विकास प्राधिकार, धनबाद।
(लुबी सर्कुलर रोड, हीरापुर धनबाद 826001)

ई–प्रोक्योरमेन्ट सूचना अति अल्पकालिन (प्रथम आमंत्रण)

ई–निविदा सूचना संख्या – **04/JMADA/2025-26** धनबाद, दिनांक – **11-04-2025**

| | | |
|---|---|---|
| 1 | निविदा आमंत्रित करने वाले पदाधिकारी का नाम/पदनाम :- | प्रबंध निदेशक, झारखंड खनिज क्षेत्र विकास प्राधिकार, धनबाद। |
| 2 | वेबसाइट पर निविदा प्रकाशन की तिथि | 16-04-2025 समय 02.00 बजे अपराहन् तक |
| 3 | निविदा प्राप्ति (ऑन लाईन बिडींग) की अन्तिम तिथि एवं समय | 05-05-2025 समय 04.00 बजे अपराहन् तक |
| 4 | सरकार के सचिव, सूचना प्रौद्योगिकी एवं ई–गवर्नेस, झारखंड मंत्रालय के ज्ञापांक–120 दिनांक–03.10.2023 के आलोक में विपत्र का मूल्य एवं अग्रधन का राशि ऑनलाईन जमा करने का अंतिम तिथि एवं समय | 05-05-2025 समय 04.00 बजे अपराहन् तक |
| 5 | तकनीकी बिड खोलने की तिथि एवं समय | 06-05-2025 समय 05:00 बजे अपराहन् |
| 6 | तकनीकी बिड खोलने का स्थान | तकनीकी सदस्य का कार्यालय झारखण्ड खनिज क्षेत्र विकास प्राधिकार, धनबाद। |
| 7 | निविदा आमंत्रित करने के सम्बन्ध में विशेष जानकारी हेतु सम्पर्क संख्या– | 9939842423 / 8789532628 |

| | कार्य का नाम | प्राक्कलित राशि (रू० में) | अग्रधन की राशि 2% | परिमाण विपत्र का मूल्य (रू० में) | कार्य पूर्ण करने की अवधि |
|---|---|---|---|---|---|
| 1 | Supplying, Installation, Testing and Commissioning of 3 MVA 11KV /3.3KV Copper Wound Out Door Type Power Transformer & its allied work at Damodar Head Works Jamadoba under JMADA, Dhanbad. | 1,29,33,000.00 | 2,58,700.00 | 10,000.00 | 06 माह |

नोट – केवल ई निविदा ही स्वीकार किये जायेंगे।
❖ उपरोक्त किसी तिथि को अवकाश घोषित होने पर अगले कार्य दिवस की तिथि को माना जायेगा।
❖ ऐसे संवेदक जिन्हें नगर विकास एवं आवास विभाग, झारखंड का निबंधन प्राप्त नहीं है वे भी निविदा में भाग ले सकते है बशर्ते कि वैसे सफल निविदादाता को एकरारनामा के पूर्व नगर विकास एवं आवास विभाग, झारखण्ड, में निबंधन पत्र प्राप्त कर लेना होगा।
❖ निविदा की सूचना तथा नियम शर्तें की जानकारी कार्यपालक अभियंता (जलापूर्ति), झारखंड खनिज क्षेत्र विकास प्राधिकार, धनबाद कार्यालय से प्राप्त की जा सकती है। निविदा की जानकारी के लिए वेवसाईट http://jharkhandtender.gov.in पर देखा जा सकता है।

ह0/–
कार्यपालक अभियंता,
झमाडा, धनबाद।
PR 350274 (Drinking Water and Sanitation) 25-26 (D)



No. CAD-99
OBCC
ଓଡ଼ିଶା ସେତୁ ଓ ନିର୍ମାଣ ନିଗମ ଲିଃ.
(ଓଡ଼ିଶା ସରକାରଙ୍କ ପୂର୍ତ୍ତ ବିଭାଗ ଅଧୀନର ଏକ ଉଦ୍ୟୋଗ)
ODISHA BRIDGE & CONSTRUCTION CORPORATION LIMITED
(A Government of Odisha Undertaking under Works Department)
No. 3776 Date: 10.04.25
File: SMT-2055 (Vol-II)

NOTICE INVITING TENDER

| | | | |
|---|---|---|---|
| 1. | Name of Work | : | Development and Beautification of Pathra Puskarinee near Alam Chandi Mandir, Puri under ABADHA Scheme |
| 2. | Bid Identification No. | : | 02/Tender/OBCC/2025-26 |
| 3. | Class of Contractor | : | "A" Class |
| 4. | Bid Processing Fee (Only in Online Mode) | : | Rs.11,800 (Including GST) |
| 5. | Date of availability of bid document in e-procurement portal | : | From Dt.15.04.2025 |
| 6. | Last date & time of receipt of online bid | : | Upto 05.00 P.M. of Dt.24.04.2025 |
| 7. | Date of Bid Opening | : | 25.04.2025 at 11.30 A.M. |
| 8. | Project Completion Duration | : | 6 (Six) Calendar Months |
| 9. | Further details can be seen from the e-Procurement portal **https://www.tendersodisha.gov.in**. | | |
| 10. | OBCC has the right to accept or reject the Notice/ DTCN without assigning any reasons thereof. | | |

Sd./- EIC-cum-Managing Director
OIPR-34106/11/0017/2526

# ବେଗୁନିଆ ଏସ୍ଆର୍ କାର୍ଯ୍ୟାଳୟରେ ଦୁର୍ନୀତି ଅଭିଯୋଗ

## ରାଜସ୍ୱ ବିଭାଗ ଅତିରିକ୍ତ ଶାସନ ସଚିବଙ୍କୁ ଅଭିଯୋଗପତ୍ର

ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ)

ପାର୍ଟ ବା ଆଂଶିକ ପ୍ଲଟ୍ ରେଜିଷ୍ଟ୍ରେଶନ ଉପରେ ସରକାରୀ କଟକଣା ରହିଥିବା ବେଳେ ବେଗୁନିଆ ସବ୍‌ରେଜିଷ୍ଟ୍ରାର(ଏସ୍ଆର୍) ତଥା ଉପନିବନ୍ଧକଙ୍କ କାର୍ଯ୍ୟାଳୟରେ ଏହାର ଖୋଲା ଉଲ୍ଲଂଘନ କରାଯାଇଛି। ଆଂଶିକ ପ୍ଲଟ ବିକ୍ରି ବାବଦରେ ଲକ୍ଷାଧିକ ଟଙ୍କା କାରବାର ଚାଲିଛି। ଏନେଇ କେତେଜଣ ବ୍ୟକ୍ତି ରାଜ୍ୟ ସରକାରଙ୍କ ରାଜସ୍ୱ ବିଭାଗ ଅତିରିକ୍ତ ଶାସନ ସଚିବଙ୍କ ନିକଟରେ ଲିଖିତ ଅଭିଯୋଗ କରିଛନ୍ତି। ତେବେ ଆଂଶିକ ପ୍ଲଟ ବିକ୍ରି ବାବଦରେ ବ୍ୟାପକ ଅର୍ଥ କାରବାର ଅଭିଯୋଗ ପରେ ଅତିରିକ୍ତ ଜିଲାପାଳ ଜିଲାର ସମସ୍ତ ସବ୍‌ରେଜିଷ୍ଟ୍ରାରଙ୍କୁ ରିପୋର୍ଟ ତଲବ କରିଥିଲେ। ନିକଟରେ ରାଜସ୍ୱ ବିଭାଗର ଅତିରିକ୍ତ ସଚିବ ବେଗୁନିଆ ସବ୍‌ରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟକୁ ପରିଦର୍ଶନରେ ଆସି ସମସ୍ତ ରେକର୍ଡପତ୍ର ଯାଞ୍ଚ କରିଥିଲେ। ଅଭିଯୋଗ ମୁତାବକ, ବେଗୁନିଆ ସବ୍‌ରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟ ଦୁର୍ନୀତିର ଗନ୍ତାଘର ପାଲଟିଛି। ଲାଞ୍ଚ ନ ଦେଲେ କାମ ହେଉନି। ଜମି ମାଫିଆ, ଦଲାଲଙ୍କ ଆଡ୍ଡାସ୍ଥଳୀ ପାଲଟିଛି। ପାର୍ଟ ପ୍ଲଟ ବିକ୍ରି ପାଇଁ ଡିଲ୍ ସରିଲେ ରେଜିଷ୍ଟ୍ରେଶନ କରାଯାଉଛି। ପ୍ରତି ପାର୍ଟ ପ୍ଲଟ ପିଛା ୧୪ହଜାର ଏବଂ ପ୍ରତି ଶେୟାର ପ୍ଲଟ ବାବଦକୁ ୩୦ହଜାର ଟଙ୍କା ଲାଞ୍ଚ କାରବାର ହେଉଛି। ସାଧାରଣ ପରିବାର ଆର୍ଥିକ ସମସ୍ୟା, ଚିକିତ୍ସା ଏବଂ ଝିଅ ବାହାଘର ପାଇଁ ପ୍ଲଟ ବିକ୍ରି କରିବାକୁ ଚାହିଁଲେ ସେମାନଙ୍କୁ ସରକାରୀ ଧାର୍ଯ୍ୟଠାରୁ ମନଇଚ୍ଛା ଶୋଷଣ କରାଯାଉଛି। ଆଗେ ଟଙ୍କା ଆକାଉଣ୍ଟକୁ ଆସିଲେ ପାର୍ଟ ପ୍ଲଟ ବିକ୍ରି ପାଇଁ ରେଜିଷ୍ଟ୍ରେଶନ କରାଯାଉଛି, ଟଙ୍କା ନ ଦେଲେ ବିଭିନ୍ନ ଆଳ ଦେଖାଇ ଫେରାଇ ଦେଉଛନ୍ତି। ଏନେଇ ଜନଅସନ୍ତୋଷ ବଢ଼ିବାରେ ଲାଗିଛି। କାର୍ଯ୍ୟାଳୟରେ ଲାଗିଥିବା ସିସିଟିଭି ଫୁଟେଜ ଯାଞ୍ଚ କରାଗଲେ ଏହାର ସତ୍ୟତା ଜଣାପଡିବ। ମୌଜା ଧାନଘରନୂଆଗାଁ, ଖାତା ନଂ.୯୧, ପ୍ଲଟ ନଂ. ୩୮୬, ଏରିଆ ଏ୧.୪୩୫ଡିସିମିଲକୁ ଗତ ୭ ତାରିଖ ଏବଂ ୮ତାରିଖରେ ପ୍ରତି ଗୁଣ୍ଠ ପିଛା ୧୦ହଜାର ଟଙ୍କା ନେଇ ରେଜିଷ୍ଟ୍ରେଶନ କରାଯାଇଛି। ଅଫିସ କମ୍ପ୍ୟୁଟରରୁ ଏହାର ପ୍ରମାଣ ମିଳିପାରିବ ବୋଲି ଅଭିଯୋଗରେ ଉଲ୍ଲେଖ କରାଯାଇଛି। ଜଣେ ଷ୍ଟାମ୍ପ ଭେଣ୍ଡର ଷ୍ଟାମ୍ପ ବିକ୍ରି କରିବା ପରିବର୍ତ୍ତେ କିଭଳି ଭାବେ ଦଲିଲ ସମ୍ପାଦନ କରୁଛନ୍ତି ତାହା ତଦନ୍ତ ସାପେକ୍ଷ।

ସୂଚନାଥାଉ କି, ୨୦୨୩ ଡିସେମ୍ବରରେ ପଞ୍ଜୀକରଣ ପାଇଁ ସରକାରୀ ଦେୟଠାରୁ ଅଧିକ ଅର୍ଥ ଦାବି କରୁଥିବା ବ୍ୟକ୍ତିଙ୍କ ସମ୍ପର୍କରେ ସ୍ଥାନୀୟ ଉପନିବନ୍ଧକ, ଜିଲା ନିବନ୍ଧକ କିମ୍ବା ଦୁର୍ନୀତି ନିବାରଣ ବିଭାଗକୁ ଜଣାଇବା ପାଇଁ କାର୍ଯ୍ୟାଳୟ ପକ୍ଷରୁ ହେଲ୍ପଲାଇନ ନମ୍ବର ଜାରି କରାଯିବା ସହ ଉକ୍ତ ବ୍ୟକ୍ତିଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କାର୍ଯ୍ୟାଳୟ ପକ୍ଷରୁ ନୋଟିସ ଜାରି କରାଯାଇଥିଲା। ଏହା ସତ୍ତ୍ୱେ ଖୋଲା ଉଲ୍ଲଂଘନ କରାଯାଉଛି। ଟଙ୍କା ନ ଦେଲେ ପ୍ଲଟ ରେଜିଷ୍ଟ୍ରେଶନ କରାଯାଉନାହିଁ। ଏ ସଂକ୍ରାନ୍ତରେ ପୂର୍ବରୁ ଜିଲା ପ୍ରଶାସନ ନିକଟରେ ବାରମ୍ବାର ଅଭିଯୋଗ ସତ୍ତ୍ୱେ କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ। ଏହାର ନିରପେକ୍ଷ ଯାଞ୍ଚ ସହ ଲାଞ୍ଚ କାରବାରରେ ସମ୍ପୃକ୍ତ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି। ଅନ୍ୟପଟେ ଏନେଇ ଉପନିବନ୍ଧକଙ୍କ ପ୍ରତିକ୍ରିୟା ମିଳିପାରି ନାହିଁ।

## ସଂକ୍ଷେପରେ

### ମହାଦେବଙ୍କୁ ଆରାଧନା କଲେ ଶ୍ରଦ୍ଧାଳୁ

ବେଗୁନିଆ,୧୨।୪(ହର ପ୍ରସନ୍ନ ପଣ୍ଡା)

ବେଗୁନିଆ ସଦରମହକୁମା ସ୍ଥିତ ମା' ଦୁର୍ଗାଦେବୀଙ୍କ ଯାତ୍ରା ପଡିଆରେ ଅନୁଷ୍ଠିତ ମହାପାଟଦେଈ କାଳିକା ଦେବୀ ମହୋତ୍ସବର ଶନିବାର ଥିଲା ଚତୁର୍ଥ ଦିବସ। ହର ହର ମହାଦେବ ମନ୍ତ୍ରଧ୍ୱନିରେ ପ୍ରକମ୍ପିତ ହୋଇଥିଲା ପଡ଼ିଆ। ଆୟୋଜକ କମିଟି ପକ୍ଷରୁ ଦୈନିକ ବଶ୍ୱଶାନ୍ତି ମହାଯଜ୍ଞ ଆୟୋଜନ କରାଯାଇଛି। ସେହିପରି ଦର୍ଶକଙ୍କ ମନୋରଞ୍ଜନ ପାଇଁ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମର ବ୍ୟବସ୍ଥା କରାଯାଇଥିଲା। ହେଲେ ଶନିବାର ସନ୍ଧ୍ୟାର ସାଂସ୍କୃତିକ କାର୍ଯ୍ୟକ୍ରମକୁ ବର୍ଷା ଦାଉ ସାଜିଲା। ଫଳରେ କାର୍ଯ୍ୟକ୍ରମ ବାତିଲ ହୋଇଥିଲା। ଅନ୍ୟପକ୍ଷରେ ବିଶ୍ୱଶାନ୍ତି ନିମନ୍ତେ ଯଜ୍ଞସ୍ଥଳରେ ମହାଯଜ୍ଞ କାର୍ଯ୍ୟ ଜାରି ରହିଥିଲା। ଯଜ୍ଞ ବିଶାରଦଙ୍କ ବିଧି ମୁତାବକ ମନ୍ତ୍ର ଉଚ୍ଚାରଣରେ ବୈଦିକ ମହାଯଜ୍ଞ ଏବଂ ସୂର୍ଯ୍ୟପୂଜା, ଗୋ ପୂଜା, ଶାଳାମଣ୍ଡନ, ଅଗ୍ନି ସ୍ଥାପନା ଏବଂ ଚଣ୍ଡୀ ଆହୁତି ପ୍ରଦାନ ଆଦି ସମ୍ପନ୍ନ ହୋଇଥିଲା। ଅପରାହ୍ନରେ ପୂର୍ଣ୍ଣାହୁତି ପରେ ସ୍ଥାନୀୟ ବଡ଼ପୋଖରୀରେ ଘଟ ବିସର୍ଜନ କରାଯାଇଥିଲା। ପରେ ମହାଦେବଙ୍କ ଅପୂର୍ବ ବେଶ, ନୀତି ଏବଂ ବିଭିନ୍ନ ନାମରେ ନାମିତ ପ୍ରଦର୍ଶିତ ୧୦୮ ଲିଙ୍ଗ ଦେଖି ଶ୍ରଦ୍ଧାଳୁ ଘରକୁ ଫେରିଥିଲେ।

### ବିଦ୍ୟାଳୟରେ ୟୁଏସ୍ ପୋର୍ଟାଲ ଲାଗୁ ନିଷ୍ପତ୍ତିକୁ ଶିକ୍ଷକ ସମନ୍ୱୟ ସମିତିର ବିରୋଧ

ଭୁବନେଶ୍ୱର,୧୨।୪(ସୁଚିସ୍ମିତା ସାହୁ)

ୟୁନିଫାଏଡ୍ ଅଟୋମେଶନ୍ ସିଷ୍ଟମ (ୟୁଏସ୍)କୁ କାର୍ଯ୍ୟକାରୀ କରିବା ପାଇଁ ବିଦ୍ୟାଳୟଗୁଡିକରେ ଉପଯୁକ୍ତ ଭିତ୍ତିଭୂମି ସୃଷ୍ଟି କରାଯାଉ। ଆବଶ୍ୟକ ଶିକ୍ଷକ ନିଯୁକ୍ତି କରିବା ସହିତ ମୋବାଇଲ, ଇଣ୍ଟରନେଟ, କମ୍ପ୍ୟୁଟରର ବ୍ୟବସ୍ଥା କରାଯାଉ। ଏସବୁ ଭିତ୍ତିଭୂମି ନ ଯୋଗାଇ ବିଦ୍ୟାଳୟସ୍ତରରେ ଏହି ସିଷ୍ଟମ୍ ଲାଗୁ ନିଷ୍ପତ୍ତିକୁ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ କର୍ମଚାରୀ ସମନ୍ୱୟ ସମିତି ତୀବ୍ର ବିରୋଧ କରୁଛି ବୋଲି ଏହାର ଆବାହକ ରଞ୍ଜନ କୁମାର ଦାଶ ଶନିବାର ଏକ ପ୍ରେସ୍ ଇସ୍ତାହାରରେ ଜଣାଇଛନ୍ତି। ସେ କହିଛନ୍ତି, ୨୦୨୪-୨୫ ଶିକ୍ଷାବର୍ଷରେ ପରୀକ୍ଷାମୂଳକ ଭାବରେ ଭୁବନେଶ୍ୱର ମ୍ୟୁନିସିପାଲିଟି ଓ କୋରାପୁଟ ଜିଲାର ମୋଟୁ ବ୍ଲକ୍‌ରେ ୟୁନିଫାଏଡ୍ ଅଟୋମେଶନ୍ ସିଷ୍ଟମ୍‌କୁ ଲାଗୁ କରାଯାଇଥିଲା। କିନ୍ତୁ ସମସ୍ତ ଉଦ୍ୟମ ସତ୍ତ୍ୱେ ଏହି ବ୍ୟବସ୍ଥାକୁ ବର୍ଷସାରା ସଫଳ ରୂପାୟନ କରାଯାଇପାରି ନ ଥିଲା। ଅଧିକାଂଶ ସମୟରେ ପୋର୍ଟାଲ ଖୋଲୁ ନ ଥିବାରୁ ଶିକ୍ଷକ, ଶିକ୍ଷୟିତ୍ରୀମାନେ ନିଜ ଉପସ୍ଥାନ ପ୍ରଦାନ କରିବା ପାଇଁ ଅସମର୍ଥ ହୋଇଥିଲେ। ସେହିପରି କୋରାପୁଟର ମୋଟୁ ଅଞ୍ଚଳରେ ଇଣ୍ଟରନେଟ୍‌ର ସୁବିଧା ନ ଥିଲା। ବର୍ତ୍ତମାନର ସରକାର ପୁନଶ୍ଚ ଏହି କାର୍ଯ୍ୟକ୍ରମକୁ ଲାଗୁ କରିବାକୁ ଚାହୁଁଛନ୍ତି। ବିଦ୍ୟାଳୟରେ ଉପଯୁକ୍ତ ଡିଭାଇସ୍ ନାହିଁ କି ଦକ୍ଷ ପରିଚାଳକ ମଧ୍ୟ ନିଯୁକ୍ତ ହୋଇନାହାନ୍ତି। ଶିକ୍ଷକ ସଂଗଠନଗୁଡିକ ସହିତ ସରକାର ଏ ବାବଦରେ କୌଣସି ବିଚାରବିମର୍ଶ ଓ ଆଲୋଚନା ନ କରି ଏହାକୁ କାର୍ଯ୍ୟକାରୀ କରିବା କେତେଦୂର ଯୁକ୍ତିଯୁକ୍ତ ବୋଲି ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଆବଶ୍ୟକ ଭିତ୍ତିଭୂମି ପରେ ଏହାକୁ ଲାଗୁ କରିବାକୁ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ପକ୍ଷରୁ ସଭାପତି ସୁକାନ୍ତ କୁମାର ବେହେରା, ଅକ୍ଷୟ କୁମାର ମିଶ୍ର, ବିକ୍ରମ କୁମାର ଦାସ ଓ ପ୍ରମୋଦ କୁମାର ହୋତା ପ୍ରମୁଖ ସରକାରଙ୍କ ନିକଟରେ ଦୃଢ଼ ଦାବି କରିଛନ୍ତି।



ବାଣପୁର ପଲଟନ ପଡ଼ିଆରେ ଦଣ୍ଡଠାକୁର ମହାମିଳନ କମିଟି ଆନୁକୂଲ୍ୟରେ ଶନିବାର ଅନୁଷ୍ଠିତ ବାର୍ଷିକ ଦଣ୍ଡ ମହାମେଳଣରେ ଶ୍ରଦ୍ଧାଳୁ ଏବଂ ଅନ୍ୟମାନେ।

# ଜମୁଛି ମୁଖାପିନ୍ଧା ରାମଲୀଳା ନାଟକ

ବେଗୁନିଆ,୧୨।୪(ହର ପ୍ରସନ୍ନ ପଣ୍ଡା)

ବେଗୁନିଆ ବ୍ଲକର ବାଘମାରୀ ତଳସାହି, ରାଧାକାନ୍ତପୁର ପଞ୍ଚାୟତର ସୁଆଁଳ, ବୋତଳମା ପଞ୍ଚାୟତ ଅନ୍ତର୍ଗତ ଛତ୍ରପଡା ଆଦି ଗ୍ରାମରେ ଗତ ରାମନବମୀ ତିଥିରୁ ଆରମ୍ଭ ହୋଇଛି ରାମଲୀଳା ନାଟକ। ଏଥିସହିତ ବ୍ଲକର ବିଭିନ୍ନ ଗ୍ରାମରେ ଥିବା ମନ୍ଦିର ପରିସରରେ ଶ୍ରୀରାମ ଜନ୍ମ ଓ ଅଭିଷେକ ପର୍ବ ପାଳନ କରାଯାଇଛି। ଏହା ୯ଦିନ ଧରି ଚାଲିବାକୁ ଥିବା ନାଟକର ପ୍ରଥମ ଦିବସରେ ଶାସ୍ତ୍ରବିଧି ମୁତାବକ ସ୍ଥାନୀୟ ଠାକୁରଙ୍କ ପୀଠରେ ଅଯୋଧ୍ୟାର ରାଜା ଦଶରଥଙ୍କ ପୁତ୍ର ରାମ, ଭରତ, ଲକ୍ଷ୍ମଣ, ଶତ୍ରୁଘ୍ନଙ୍କର ଜନ୍ମନୀତି ପାଳନ କରାଯାଇଥିଲା। ପରେ ନାଭିକଟା, କ୍ଷୀରପାନ, ଶୈଶବ ଅବସ୍ଥାର ଅବିକଳ ବିଧି ମୁତାବକ ପୂଜାପାଠ କରାଯାଇଥିଲା। ତେବେ ବାଘମାରୀ ତଳସାହିସ୍ଥିତ ମହାବୀରଙ୍କ ପୀଠରେ କାଠରେ ତିଆରି ରାମଚନ୍ଦ୍ରଙ୍କ ପୁରୁଣା ଧନୁ ପୂଜା ହୋଇଥିଲା। ରଘୁନାଥ ଦେବ ନାଟ୍ୟ ସଂସଦ ପକ୍ଷରୁ ଏଠାରେ ରାମ ନାଟକ ପରିବେଷଣ କରାଯାଉଛି। ତେବେ ରାମଲୀଳା ରଙ୍ଗମଞ୍ଚରେ ନାଟକ ଆରମ୍ଭ ହେବା ପୂର୍ବରୁ ମହାବୀରଙ୍କ କାଷ୍ଠ ତିଆରି ମୁଖା, ଅନଙ୍ଗ ନରେନ୍ଦ୍ରଙ୍କ ରାମଲୀଳା ପୋଥି ରଖାଯାଇ ପୂଜାର୍ଚ୍ଚନା କରାଯାଇଥିଲା। ପରେ ରାମ ନାଟକ ଆରମ୍ଭ ହୋଇଥିଲା। ରାମାୟଣର କଥାବସ୍ତୁକୁ ନେଇ ମୁକ୍ତ ରଙ୍ଗମଞ୍ଚରେ ପଖଜ ଓ ଗିନିର ତାଳେ ତାଳେ ଗୀତ ଓ ନୃତ୍ୟ ପରିବେଷଣ କରାଯାଇଥିଲା। ରଙ୍ଗମଞ୍ଚରେ ଦେଖା ଦେଇଥିଲେ ମାଳି ଓ ସୁମାଳି ଅସୁର। ଏମାନଙ୍କର ସହଚରମାନେ ମିଶି ଉତ୍ପାତ ଆରମ୍ଭ କରିଥିଲେ। ଦେବତାମାନେ ଭୟରେ ଆତଙ୍କିତ ହୋଇପଡିଥିଲେ। ଅସୁରଙ୍କ ଦାଉରୁ ମୁକ୍ତି ପାଇବା ଉଦ୍ଦେଶ୍ୟରେ ଦେବତାମାନେ ଭଗବାନ ବିଷ୍ଣୁଙ୍କୁ ଆରାଧନା କରିଥିଲେ। ବିଷ୍ଣୁ ଦେବତାମାନଙ୍କର କଷ୍ଟ ଅନୁଭବ କରି ଅସୁର ବଂଶ ଧ୍ୱଂସ କରିବା ଆରମ୍ଭ କରିଥିଲେ। ଭଗବାନ ବିଷ୍ଣୁଙ୍କ କବଳରୁ ଖସିଯାଇ ସୁମାଳି ପାତାଳପୁରୀକୁ ପଳାଇଯାଇଥିଲା। ସେଠାରେ ଲୁଚି ରହି ପୁଣି ଥରେ ବଂସବିସ୍ତାର କରିଥିଲା। ସୁମାଳିର ଝିଅ ନିକଶାକୁ ଋଷି ବିଶ୍ରବାଙ୍କୁ ବିବାହ ବନ୍ଧନରେ ବାନ୍ଧି ଦିଆଯାଇଥିଲା। ପରେ ବିଶ୍ରବାଙ୍କଠାରୁ ରାବଣ, କୁମ୍ଭକର୍ଣ୍ଣ, ବିଭୀଷଣ ଓ ଭଉଣୀ ସୁର୍ପଣଖା ଜନ୍ମ ନେଲେ। ଧୀରେ ଧୀରେ ଅସୁର ରାଜା ରାବଣଙ୍କର ଧରାପୃଷ୍ଠରେ ଉତ୍ପାତ ବଢ଼ିଚାଲିଲା। ପୁଣି ଭୟଭୀତ ହୋଇ ଦେବତାମାନେ ଭଗବାନ ବିଷ୍ଣୁଙ୍କୁ ଆରାଧନା କଲେ। ରାମଜନ୍ମରେ ସଙ୍କଟକୁ ଲାଘବ କରିବେ ବୋଲି ଦେବତାମାନଙ୍କୁ ପ୍ରତଶ୍ରୁତି ଦେଇଥିଲେ। ଅନ୍ୟପକ୍ଷରେ ଅଯୋଧ୍ୟାର ରାଜା ଦଶରଥ ଅପୁତ୍ରିକ ଥାନ୍ତି। ଅପୁତ୍ରିକ ଦୋଷରୁ ମୁକ୍ତି ପାଇବା ଆଶାରେ ରାଜା ଦଶରଥ ପୁତ୍ରେଷ୍ଟି ଯଜ୍ଞର ଆୟୋଜନ କରିଥିଲେ। ଋଷ୍ୟଶୃଙ୍ଗ ଋଷିଙ୍କ ଦ୍ୱାରା ଯଜ୍ଞ ଆୟୋଜନ କରାଯାଇଥିଲା। ଯଜ୍ଞ ଚରୁ ଖାଇ କୌଶଲ୍ୟାଙ୍କ ଗର୍ଭରୁ ରାମଚନ୍ଦ୍ର, କୈକେୟୀଙ୍କ ଗର୍ଭରୁ ଭରତ, ସୁମିତ୍ରାଙ୍କ ଗର୍ଭରୁ ଲକ୍ଷ୍ମଣ ଓ ଶତ୍ରୁଘ୍ନ ଜନ୍ମ ନେଇଥିଲେ। ପରେ ଦୈନିକ ସନ୍ଧ୍ୟାରେ ଅନୁଷ୍ଠିତ ଏହି ନାଟକର ବିଷୟବସ୍ତୁ ସୀତା ବିବାହ ଏବଂ ଶୁକ୍ରବାର ରାତିରେ ଲଙ୍କାପୋଡିର ଦୃଶ୍ୟ ପରିବେଷଣ କରାଯାଇଥିଲା।



ପ୍ରଭୁ ଶ୍ରୀରାମ, ହନୁମାନଙ୍କ କାଷ୍ଠ ମୁଖା ଏବଂ ପଖଜ ପୂଜା କରାଯାଉଛି।

# ଠଣାପଲ୍ଲୀରେ ୧୦ମଣ୍ଡଳ ଦଣ୍ଡଠାକୁରଙ୍କ ମେଳଣ



ବୋଲଗଡ଼/କଳାପଥର,୧୨।୪
(ଦେବବ୍ରତ ହୋତା/ଗଙ୍ଗାଧର ସାହୁ)

ବୋଲଗଡ଼ ବ୍ଲକ ଧଳାପଥର ପଞ୍ଚାୟତ ଅନ୍ତର୍ଗତ ଠଣାପଲ୍ଲୀ ଗ୍ରାମବାସୀଙ୍କ ଦ୍ୱାରା ଆଖପାଖ ଗ୍ରାମର ୧୦ମଣ୍ଡଳର ଦଣ୍ଡ ଠାକୁରଙ୍କ ମେଳଣ ଉତ୍ସବ ଶନିବାର ଅନୁଷ୍ଠିତ ହୋଇଯାଇଛି। ସ୍ଥାନୀୟ ମା'କାଳିକା ଠାକୁରାଣୀଙ୍କ ପୀଠସ୍ଥଳରେ କଳାପଥର, ଖଜୁରୀପଦା, କୃଷ୍ଣପଲ୍ଲୀ, ଲେମ୍ବେରି, ମଧୁଆପଲ୍ଲୀ, ଆରିକମା, କାଦୁଆପଡା, ଠଣାପଲ୍ଲୀ ଆଦି ଗ୍ରାମର ୧୦ମଣ୍ଡଳ ଦଣ୍ଡଠାକୁରମାନେ ପଟୁଆର ଯାତ୍ରାରେ ଠାକୁରାଣୀଙ୍କ ମଣ୍ଡପ ନିକଟରେ ପହଞ୍ଚିବା ପରେ ସେଠାରେ ଶାନ୍ତିହୋମ ହୋଇଥିଲା। ପରେ ଦଣ୍ଡ ଠାକୁରମାନେ ମେଳଣ ସ୍ଥଳରେ ଏକତ୍ରିତ ହୋଇ ପରଭା ନୃତ୍ୟ କରିଥିଲେ। ଏହି ଅବସରରେ ଗ୍ରାମର ସମସ୍ତ ଠାକୁର ମଦନମୋହନ, ରାଧାମାଧବ, ରଘୁନାଥ, ବାଲୁଙ୍କେଶ୍ୱର ଦେବ ପ୍ରମୁଖ ପୂଜା ସ୍ଥାନରେ ବିମାନରେ ବିଜେ ହୋଇଥିଲେ। ଗ୍ରାମ ସଭାପତି ଫକୀରଚରଣ ପ୍ରଧାନ, ଭାଗୀରଥି ଦାଶ, ରାଜ କିଶୋର ବେହେରା, କୃଷ୍ଣ ଚମ୍ପତି, ଧ୍ରୁବଚରଣ ମହାପାତ୍ର, ପହଲି ପ୍ରଧାନ ପ୍ରମୁଖ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ। ପୁରୋହିତ ପ୍ରଭାକର ତ୍ରିପାଠୀ ଓ ତୋଫାନ ମହାପାତ୍ର ପୂଜା ହୋମକାର୍ଯ୍ୟ ସମ୍ପାଦନ କରିଥିବା ବେଳେ କର୍ମାଚାର୍ଯ୍ୟ ଭାବେ ରତ୍ନାକର ମହାପାତ୍ର ଦାୟିତ୍ୱ ତୁଲାଇଥିଲେ। ପାଟଦଣ୍ଡୁଆ ନାରାୟଣ ସାହୁଙ୍କ ଦଣ୍ଡ ବନ୍ଦନା ମଧ୍ୟରେ ସର୍ବେଶ୍ୱର ମହାପାତ୍ର ଓ ହରିହର ମହାପାତ୍ର ପ୍ରମୁଖ ଦଣ୍ଡ ମେଳଣ ପର୍ବ ଅନୁଷ୍ଠିତ କରାଇଥିଲେ। ରାତିରେ ଗ୍ରାମର ଯୁବକ ସଂଘ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ହୋଇଥିଲା।

## ଦଣ୍ଡଠାକୁରଙ୍କ ୧୬ତମ ଦଣ୍ଡ ମହାମେଳଣ

ବାଣପୁର,୧୨।୪(ଦିଲୀପ କୁମାର ସ୍ୱାଇଁ)

ବାଣପୁର ପଲଟନ ପଡ଼ିଆରେ ଦଣ୍ଡଠାକୁର ମହାମିଳନ କମିଟି ଆନୁକୂଲ୍ୟରେ ଶନିବାର ୧୬ତମ ବାର୍ଷିକ ଦଣ୍ଡ ମହାମେଳଣ ଅନୁଷ୍ଠିତ ହୋଇଯାଇଛି। ବାଣପୁର ବଡ଼ହନୁଆଡ ଗ୍ରାମର ଦଣ୍ଡ ଠାକୁର ରାଜା ରାଜେଶ୍ୱର ଦେବଙ୍କ ନିମନ୍ତ୍ରଣକ୍ରମେ ବାଣପୁର ଅଞ୍ଚଳର ୧୨ ଦଣ୍ଡ ଠାକୁର ଭକ୍ତ ରାଜେଶ୍ୱର ଦେବ ବିଜେ ସାନହନୁଆଡ, କପିଳେଶ୍ୱର ଦେବ ବିଜେ ମାଟିଆପୋଖରି, ଝାଡେଶ୍ୱର ଦେବ ବିଜେ ଭୀମପୁର, ଭେଟିନାଥ ଦେବ ବିଜେ ଭେଟେଶ୍ୱର, ଗୁପ୍ତେଶ୍ୱର ଦେବ ବିଜେ ଗାଲୁଆ, ବାଲୁଙ୍କେଶ୍ୱର ଦେବ ବିଜେ ବିଧାରପୁର, ଗୁପ୍ତେଶ୍ୱର ଦେବ ବିଜେ ବଡ଼ସିରେଇପୁର, ଗାଦିଶ୍ୱର ଦେବ ବିଜେ ବେରୁଆଁବାଡି, ନୀଳକଣ୍ଠେଶ୍ୱର ଦେବ ବିଜେ ଅରାଙ୍ଗ, ପଞ୍ଚ ମହାଦେବ, ନୀଳକଣ୍ଠେଶର ଦେବ ବିଜେ ଖାରିଆପଲ୍ଲୀ, ନାଗରାଜ ଦେବ ବିଜେ ବୋରିଗାଁ ଦଣ୍ଡ ଠାକୁର ପଡ଼ିଆକୁ ଆସିଥିଲେ। ପାଟଭକତା, ଘଣ୍ଟୁଆ କାହାଳୀ, ଚାମ୍ବର ସହ ବିଭିନ୍ନ ରଙ୍ଗବେରଙ୍ଗ ଆଲୋକମାଳାରେ ସଜ୍ଜିତ କରାଇ ନିଜ ଠାକୁରଙ୍କୁ ଗ୍ରାମବାସୀମାନେ ପଡିଆକୁ ନେଇ ଆସିଥିଲେ। ସମସ୍ତ ଦଣ୍ଡ ଠାକୁର ଆସନ ଗ୍ରହଣ କରିବା ପରେ ପୂଜାର୍ଚ୍ଚନା ହୋଇଥିଲା। ଭୋଗଲାଗି ଏବଂ ଦଣ୍ଡଖେଳ, ପରେ ଭକ୍ତ ଓ ଭଗବାନଙ୍କ ମହାମିଳନ ପର୍ବ ଅନୁଷ୍ଠିତ ହୋଇଥିଲା। ଆତସବାଜିରେ ପଡିଆ ପ୍ରକମ୍ପିତ ହୋଇଉଠିଥିଲା। ବହୁ ଶ୍ରଦ୍ଧାଳୁ ଯୋଗଦେଇ ଠାକୁରଙ୍କ ଆଶୀର୍ବାଦ ଭିକ୍ଷା କରିଥିଲେ।

## ସ୍ନେହ, ଶ୍ରଦ୍ଧା ମମତାର ନିଦର୍ଶନ ବିଶ୍ୱରଞ୍ଜନ

ବାଘମାରୀ,୧୨।୪(ମିହିର ରଞ୍ଜନ ମହାପାତ୍ର)

ପଙ୍ଗାରସିଂହ କ୍ଲଷ୍ଟର ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ବିଶ୍ୱରଞ୍ଜନ ବେହେରାଙ୍କ ସିଆର୍‌ସିସି ପଦରୁ ବିଦାୟ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ତଳଗଡ଼ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ବରିଷ୍ଠ ଶିକ୍ଷକ ପ୍ରମୋଦ କୁମାର ଦାଶଙ୍କ ସଭାପତିତ୍ୱରେ ପ୍ରଧାନ ଶିକ୍ଷୟିତ୍ରୀ ତରୁଲତା ମହାନ୍ତି, ଅଖିଳେଶ ମହାପାତ୍ର, ପ୍ରଧାନ ଶିକ୍ଷକ ପ୍ରଶାନ୍ତ କୁମାର ଜଗଦେବ, ବିଶ୍ୱଜିତ ପଟ୍ଟନାୟକ, ନିରୁପମା ତ୍ରିପାଠୀ, ଶୁଭେନ୍ଦ୍ର ଚମ୍ପତିରାୟ, ନିରଞ୍ଜନ ଛାଟୋଇ, ମଞ୍ଜୁଲତା ବେହେରା, ଅବକାଶ ସେଠୀ, ରଞ୍ଜନ ନାୟକ, କିଶୋର କୁମାର ପ୍ରଧାନ ପ୍ରମୁଖ ଯୋଗଦେଇ ମତବ୍ୟକ୍ତ କରିଥିଲେ। ବିଶ୍ୱରଞ୍ଜନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ତଳଗଡ଼, ଲେଖନପୁର, କୁରାଡ଼ିଲୋ, ପଙ୍ଗାରସିଂହ, ଗୋଡ଼ିପୋଖରି, କେନ୍ଦୁପଲ୍ଲି, ଚିରାମାରୁ ବିଦ୍ୟାଳୟର ଶିକ୍ଷୟିତ୍ରୀ ଶିକ୍ଷକ ଉପସ୍ଥିତ ଥଲେ। ଶିକ୍ଷୟିତ୍ରୀ ଗାୟତ୍ରୀ ବେହେରା ଧନ୍ୟବାଦ ଦେଇଥିଲେ।


**ଓଡ଼ିଶା ସରକାର**
**ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ**
**ଜନସାଧାରଣଙ୍କ ନିମନ୍ତେ ବିଶେଷ ସୂଚନା**

No. T-07: ଏତଦ୍ଵାରା ରାଜ୍ୟର ସମସ୍ତ ଜନସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ଆସନ୍ତା ସୋମବାର, ଇଂରାଜୀ ତା**14.04.2025**ରିଖ ସରକାରୀ ଛୁଟିଦିନ ଥିବାରୁ ୟୁନିଟ୍-୫, ଭୁବନେଶ୍ୱରସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠଠାରେ ମୁଖ୍ୟମନ୍ତ୍ରୀଙ୍କ **ଅଭିଯୋଗ ଶୁଣାଣି ବନ୍ଦ ରହିବ**। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ।

ଅତିରିକ୍ତ ମୁଖ୍ୟ ଶାସନ ସଚିବ
OIPR-09014/11/0086/2526 ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ



ବିଜ୍ଞାପନ ସଂ. ୩୨/୨୦୨୫
**ଭାରତ ସରକାର**
**ସର୍ବସାଧାରଣ ଉଦ୍ୟୋଗ ଚୟନ ବୋର୍ଡ**
**ମେକନ୍ ଲିମିଟେଡ୍‌ରେ ନିର୍ଦ୍ଦେଶକ (ପ୍ରକଳ୍ପ)**
ପଦବୀ ପାଇଁ ଦରଖାସ୍ତ ଆହ୍ୱାନ କରୁଛନ୍ତି।
ଆବେଦନକାରୀଙ୍କ ଦ୍ୱାରା ଆବେଦନ ଦାଖଲ କରାଯିବାର ଶେଷ ତାରିଖ ହେଉଛି **୦୫ ମେ, ୨୦୨୫** (୧୫.୦୦ ଘଟିକା ସୁଦ୍ଧା)
ନୋଡାଲ୍ ଅଧିକାରୀଙ୍କ ଦ୍ୱାରା ଆବେଦନଗୁଡ଼ିକୁ ପିଇଏସ୍‌ବି ନିକଟକୁ ଫରୱାର୍ଡ କରାଯିବାର ଶେଷ ତାରିଖ ହେଉଛି
**୧୪ ମେ, ୨୦୨୫** (୧୭.୦୦ ଘଟିକା ସୁଦ୍ଧା)।
ବିବରଣୀ ପାଇଁ https://pesb.gov.in ରେ ଲଗ୍ ଇନ୍ କରନ୍ତୁ।
CBC 40110/12/0001/2526



No. CAD-99
**ଓଡ଼ିଶା ସେତୁ ଓ ନିର୍ମାଣ ନିଗମ ଲିଃ.**
(ଓଡ଼ିଶା ସରକାରଙ୍କ ପୂର୍ତ୍ତ ବିଭାଗ ଅଧୀନର ଏକ ଉଦ୍ୟୋଗ)
**ODISHA BRIDGE & CONSTRUCTION CORPORATION LIMITED**
(A Government of Odisha Undertaking under Works Department)
No. 3776 Date: 10.04.25
File: SMT-2055 (Vol-II)

**NOTICE INVITING TENDER**

| | | |
|---|---|---|
| 1. | Name of Work | Development and Beautification of Pathra Puskarinee near Alam Chandi Mandir, Puri under ABADHA Scheme |
| 2. | Bid Identification No. | 02/Tender/OBCC/2025-26 |
| 3. | Class of Contractor | "A" Class |
| 4. | Bid Processing Fee (Only in Online Mode) | Rs.11,800 (Including GST) |
| 5. | Date of availability of bid document in e-procurement portal | From Dt.15.04.2025 |
| 6. | Last date & time of receipt of online bid | Upto 05.00 P.M. of Dt.24.04.2025 |
| 7. | Date of Bid Opening | 25.04.2025 at 11.30 A.M. |
| 8. | Project Completion Duration | 6 (Six) Calendar Months |
| 9. | Further details can be seen from the e-Procurement portal **https://www.tendersodisha.gov.in.** | |
| 10. | OBCC has the right to accept or reject the Notice/ DTCN without assigning any reasons thereof. | |

Sd./- EIC-cum-Managing Director
OIPR-34106/11/0017/2526


# ବିଶ୍ୱଶାନ୍ତି ମହାଯଜ୍ଞରେ କଳସ ଶୋଭାଯାତ୍ରା



ଖୋର୍ଦ୍ଧା,୧୨।୪(ପ୍ରଭାତ ପାଣିଗ୍ରାହୀ)

ଖୋର୍ଦ୍ଧା ବ୍ଲକ ଟାଙ୍ଗିଆପଡ଼ା ପଞ୍ଚାୟତ ଅନ୍ତର୍ଗତ ଉଇଲକିଶନ ନଗର (ସାହେବ ନୂଆଗାଁ) ମା'ଅଁଳାଇଙ୍କ ପୀଠରେ ଶ୍ରୀମହାବୀରଙ୍କ ୨୩ତମ ବାର୍ଷିକ ବିଶ୍ୱଶାନ୍ତି ମହାଯଜ୍ଞ ନିମନ୍ତେ କଳସ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏହି ଯଜ୍ଞରେ ମୁଖ୍ୟ ପୁରୋହିତ ବିଶ୍ୱନାଥ ନନ୍ଦଙ୍କ ସଂଯୋଜନାରେ କର୍ତ୍ତାଭାବେ ହିମାଂଶୁ ବରାଳ, ଗ୍ରାମ୍ୟ କମିଟିର ସଭାପତି ପୂର୍ଣ୍ଣଚନ୍ଦ୍ର ସାହୁ, ସନାତନ ବିଶ୍ୱାଳଙ୍କ ତତ୍ତ୍ୱାବଧାନରେ ଶନିବାର ଗ୍ରାମର ଝାରିଆ ପୋଖରୀଠାରେ ପୂଜାର୍ଚ୍ଚନା ପରେ ଶତାଧିକ ଶ୍ରଦ୍ଧାଳୁ ଶୋଭାଯାତ୍ରାରେ ଯାଇ ମହାବୀରଙ୍କ ଯଜ୍ଞସ୍ଥଳରେ କଳସ ସ୍ଥାପନ କରିଥିଲେ। ଏହା ପରେ ସୂର୍ଯ୍ୟପୂଜା, ଗୀତାପାଠ, ଅଗ୍ନି ସ୍ଥାପନ କରାଯାଇ ଯଜ୍ଞ କାର୍ଯ୍ୟ ଆରମ୍ଭ ହୋଇଥିଲା। ୧୩ ତାରିଖ ଅପରାହ୍ନରେ ଧେନୁପୂଜା, ଗୁରୁପୂଜା, ମଣ୍ଡଳ ପୂଜା, ଗୀତା ପାଠ, ଚଣ୍ଡୀପାଠ ପରେ ପୂର୍ଣ୍ଣାହୁତି କରାଯିବ। କାର୍ଯ୍ୟକ୍ରମରେ ମହାବୀର କମିଟି ଓ ଉଇଲକିଶନ ନଗର ଗ୍ରାମବାସୀ ସହଯୋଗ କରିଥିଲେ। ସେହିପରି ୧୪ ତାରିଖ ଅପରାହ୍ନରେ ମା'ଅଁଳାଇଙ୍କ ପୀଠରେ ଝାମୁଯାତ୍ରା ଅନୁଷ୍ଠିତ ହେବ।


**झारखण्ड सरकार**
**झारखण्ड खनिज क्षेत्र विकास प्राधिकार, धनबाद।**
(लुबी सर्कुलर रोड, हीरापुर धनबाद 826001)

**ई–प्रोक्योरमेन्ट सूचना अति अल्पकालिन (प्रथम आमंत्रण)**
ई–निविदा सूचना संख्या – **04/JMADA/2025-26** धनबाद, दिनांक – **11-04-2025**

| | | |
|---|---|---|
| 1 | निविदा आमंत्रित करने वाले पदाधिकारी का नाम/पदनाम | प्रबंध निदेशक, झारखंड खनिज क्षेत्र विकास प्राधिकार, धनबाद। |
| 2 | वेबसाइट पर निविदा प्रकाशन की तिथि | 16-04-2025 समय 02.00 बजे अपराहन् तक |
| 3 | निविदा प्राप्ति (ऑन लाईन बिडींग) की अन्तिम तिथि एवं समय | 05-05-2025 समय 04.00 बजे अपराहन् तक |
| 4 | सरकार के सचिव, सूचना प्रौद्योगिकी एवं ई–गवर्नेस, झारखंड मंत्रालय के ज्ञापांक–120 दिनांक–03.10.2023 के आलोक में विपत्र का मूल्य एवं अग्रधन का राशि ऑनलाईन जमा करने का अंतिम तिथि एवं समय | 05-05-2025 समय 04.00 बजे अपराहन् तक |
| 5 | तकनीकी बिड खोलने की तिथि एवं समय | 06-05-2025 समय 05:00 बजे अपराहन् |
| 6 | तकनीकी बिड खोलने का स्थान | तकनीकी सदस्य का कार्यालय झारखण्ड खनिज क्षेत्र विकास प्राधिकार, धनबाद। |
| 7 | निविदा आमंत्रित करने के सम्बन्ध में विशेष जानकारी हेतु सम्पर्क संख्या– | 9939842423 / 8789532628 |

| | कार्य का नाम | प्राक्कलित राशि (रू० में) | अग्रधन की राशि 2% | परिमाण विपत्र का मूल्य (रू० में) | कार्य पूर्ण करने की अवधि |
|---|---|---|---|---|---|
| 1 | Supplying, Installation, Testing and Commissioning of 3 MVA 11KV /3.3KV Copper Wound Out Door Type Power Transformer & its allied work at Damodar Head Works Jamadoba under JMADA, Dhanbad. | 1,29,33,000.00 | 2,58,700.00 | 10,000.00 | 06 माह |

नोट – केवल ई निविदा ही स्वीकार किये जायेंगे।
❖ उपरोक्त किसी तिथि को अवकाश घोषित होने पर अगले कार्य दिवस की तिथि को माना जायेगा।
❖ ऐसे संवेदक जिन्हें नगर विकास एवं आवास विभाग, झारखंड का निबंधन प्राप्त नहीं है वे भी निविदा में भाग ले सकते है बशर्ते कि वैसे सफल निविदादाता को एकरारनामा के पूर्व नगर विकास एवं आवास विभाग, झारखण्ड, में निबंधन पत्र प्राप्त कर लेना होगा।
❖ निविदा की सूचना तथा नियम शर्ते की जानकारी कार्यपालक अभियंता (जलापूर्ति), झारखंड खनिज क्षेत्र विकास प्राधिकार, धनबाद कार्यालय से प्राप्त की जा सकती है। निविदा की जानकारी के लिए वेवसाईट http://jharkhandtender.gov.in पर देखा जा सकता है।

ह0/–
कार्यपालक अभियंता,
झमाडा, धनबाद।
PR 350274 (Drinking Water and Sanitation) 25-26 (D)

**ସଂକ୍ଷେପରେ**

## ଧୁମଧାମରେ ଚୈତ୍ର ପୂର୍ଣ୍ଣିମା ପାଳନ କଲା କୈବର୍ତ୍ତ ସମ୍ପ୍ରଦାୟ

କାକଟପୁର/ଅସ୍ତରଙ୍ଗ,୧୨।୪
(ଶୁଭଦର୍ଶନ ମିଶ୍ର/ପ୍ରଦୀପ୍ତ କୁମାର ଦୀକ୍ଷିତ)

ଚୈତ୍ର ପୂର୍ଣ୍ଣିମା ଓଡ଼ିଶାର ଏକ ଗଣପର୍ବ। ଚଇତି ପୂନେଇଁ ନାମରେ ଏହା ଖ୍ୟାତ। କୈବର୍ତ୍ତ ଜାତିର ଲୋକଙ୍କ ଦ୍ୱାରା ଚୈତ୍ର ମାସର ପୂର୍ଣ୍ଣିମା ତିଥିରେ ଏହା ପାଳିତ ହୋଇଥାଏ। କୈବର୍ତ୍ତମାନେ ଘୋଡ଼ାର ଏକ ଖୋଳ କରି ସେଥିରେ ପଶି ଘୋଡ଼ା ଚଢ଼ିବାର ଅଭିନୟ କରିଥାନ୍ତି। ଏହା ଚଇତି ଘୋଡ଼ା ନୃତ୍ୟ ନାମରେ ଜଣାଶୁଣା। ପୂର୍ଣ୍ଣିମାରୁ ୮ ଦିନ ଚଇତି ପର୍ବ ପାଳନ କରାଯାଏ। ଏହି ପର୍ବରେ ଦିନରାତି ଭୋଜିଭାତ ନୃତ୍ୟ ଗୀତ ଆଦି କରାଯାଇଥାଏ। ଘରର ପ୍ରତ୍ୟେକ ସଦସ୍ୟ ନୂଆବସ୍ତ୍ର ପରିଧାନ ପୂର୍ବକ ଏଥିରେ ଅଂଶଗ୍ରହଣ କରିଥାନ୍ତି। ଅସ୍ତରଙ୍ଗ ବ୍ଲକର ନଗର ପଞ୍ଚାୟତ ବାଲିଡ଼ିଆ, କାଳିଆକଣ, ବାଲିପନ୍ତାଳ, ଆଳସାହି ପଞ୍ଚାୟତର ପାଟସୁନ୍ଦରପୁର, ଆଳସାହି, ଛୁରିଆନା ପଞ୍ଚାୟତର ସହନ ଅଞ୍ଚଳରେ ରହୁଥିବା କୈବର୍ତ୍ତମାନେ ଆନନ୍ଦ ଉଲ୍ଲାସର ସହ ଏହି ପର୍ବ ପାଳନ କରୁଛନ୍ତି। କୈବର୍ତ୍ତ ଲୋକମାନେ ଜୀବନଜୀବିକା ନିର୍ବାହ କରୁଥିବା ଜାଲ, ଡଙ୍ଗା ଓ ଟାପାକୁ ପୂଜାର୍ଚ୍ଚନା କରାଯାଇଥିଲା। ଏହାସହ ବିଭିନ୍ନ ଗ୍ରାମରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥାଏ।

## ଆମ ସଂସ୍କୃତି ଆମ ଖେଳନା କାର୍ଯ୍ୟକ୍ରମରେ ଛାତ୍ରୀଛାତ୍ର ପୁରସ୍କୃତ

ସାକ୍ଷୀଗୋପାଳ,୧୨।୪
(କିଶୋର ମହାପାତ୍ର/ପ୍ରଶାନ୍ତ କୁମାର ବାରିକ)

ସତ୍ୟବାଦୀ ଉଚ୍ଚ ବିଦ୍ୟାଳୟରେ ଶନିବାର ଆମ ସଂସ୍କୃତି ଆମ ଖେଳନା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ପିଲାଟି ଦିନରୁ ଛାତ୍ରୀଛାତ୍ରଙ୍କ ମଧ୍ୟରେ ରହିଥିବା ଅନ୍ତର୍ନିହିତ ଗୁଣର ବିକାଶ ଓ ଏ ଦିଗରେ ପାରଦର୍ଶିତା ଅର୍ଜନ କରିଥିବା ୫୦ ଛାତ୍ରୀଛାତ୍ରଙ୍କୁ ପୁରସ୍କୃତ କରାଯାଇଛି। ପ୍ରଥମ ଶ୍ରେଣୀରୁ ୮ମ ଶ୍ରେଣୀ ପର୍ଯ୍ୟନ୍ତ ପରୀକ୍ଷାରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ, ବରିଷ୍ଠ ଓ କନିଷ୍ଠ ବିଭାଗର ବିଜ୍ଞାନ, ଗଣିତ, ନୃତ୍ୟ ଏବଂ ପରିବେଶ ତର୍କ ପ୍ରତିଯୋଗିତାରେ ସଫଳତା ପାଇଥିବା ପ୍ରତିଯୋଗୀଙ୍କୁ ଅତିଥିମାନେ ପ୍ରମାଣ ପତ୍ର ଓ ଟ୍ରଫି ପ୍ରଦାନ କରି ଉତ୍ସାହିତ କରିଥିଲେ। କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ବିଦ୍ୟାଳୟ ଆଲୁମ୍ନି କମିଟି ସଭାପତି କିଶୋର ଚନ୍ଦ୍ର ମହାପାତ୍ର, ସମ୍ମାନିତ ଅତିଥି ଭାବେ ପରିଚାଳନା କମିଟି ସଭାପତି ଚକ୍ରଧର ମହାରଣା ଯୋଗଦେଇ ଛାତ୍ରୀଛାତ୍ରଙ୍କ ସଫଳତା ସେମାନଙ୍କ ଅଭିଭାବକଙ୍କ ସହିତ ବିଦ୍ୟାଳୟର ଗର୍ବବୋଲି କହିଥିଲେ। ଶୃଙ୍ଖଳିତ ଜୀବନ ଯାପନ ପାଇଁ ଗୁରୁଜନଙ୍କ ଉପଦେଶ ମାନିବା ଏବଂ ଭଲ ମଣିଷ ଭାବେ ନିଜକୁ ଗଢ଼ିତୋଳିବାକୁ ପରାମର୍ଶ ଦେଇଥିଲେ। ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ବୈଜୟନ୍ତ ମିଶ୍ର କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ। ଶିକ୍ଷୟିତ୍ରୀ ତପସ୍ୱିନୀ ତ୍ରିପାଠୀ ସଂଯୋଜନା କରିଥିବାବେଳେ ଶିକ୍ଷକ ବସନ୍ତ କୁମାର ସ୍ୱାଇଁ, ଶିକ୍ଷୟିତ୍ରୀ ସୌଦାମିନୀ ନାୟକ, ଗୀତାଞ୍ଜଳି ବେହେରା ପ୍ରମୁଖ ସହଯୋଗ କରିଥିଲେ।

## ବନାଖଣ୍ଡି ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ

କୋଣାର୍କ,୧୨।୪(ଜ୍ୟୋତିରାଜ ମହାନ୍ତି)

ଭୈରବ ନୋଡାଲ ୟୁପିଏସ୍ କ୍ଲଷ୍ଟର ଅନ୍ତର୍ଗତ ବନାଖଣ୍ଡି ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଗଙ୍ଗାଧର ରାଉତ ଓ ବାହାରଣା ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନ ଶିକ୍ଷୟିତ୍ରୀ ସରୋଜିନୀ ପୃଷ୍ଟିଙ୍କ ଅଧ୍ୟକ୍ଷତାରେ ବାର୍ଷିକ ଉତ୍ସବ ଓ 'ଆମ ସଂସ୍କୃତି ଆମ ଖେଳଣା' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ସିଆର୍‌ସିସି ରବୀନ୍ଦ୍ରନାଥ ବାହିନୀପତି ଯୋଗଦେଇ 'ଆମ ସଂସ୍କୃତି ଆମ ଖେଳଣା' କାର୍ଯ୍ୟକ୍ରମର ଆଭିମୁଖ୍ୟ ସ୍ପଷ୍ଟ କରିଥିଲେ।

# ସାହିଯାତରେ ଲଙ୍କାପୋଡ଼ି ନୀତି

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)


ଲଙ୍କାପୋଡି ନୀତି ପାଇଁ ଦୋଳମଣ୍ଡପ ସାହି ପକ୍ଷରୁ ବାହାରିଥିବା ରାବଣ ବେଶଧାରୀ ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ନୃତ୍ୟ କରୁଛନ୍ତି ।

ପବିତ୍ର ରାମନବମୀରୁ ଶ୍ରୀମନ୍ଦିର ଓ ଶ୍ରୀକ୍ଷେତ୍ରରେ ସାହିଯାତ ଚାଲିଛି। ଏହି କ୍ରମରେ ଚୈତ୍ର ପୂର୍ଣ୍ଣିମା ଶନିବାର ଲଙ୍କାପୋଡ଼ି ବା ଲଙ୍କା ଦହନ ନୀତି ସମ୍ପନ୍ନ ହୋଇଛି। ଦୋଳମଣ୍ଡପ ସାହି ପକ୍ଷରୁ ଲଙ୍କା ଦହନ ନୀତି ଆଗତ ସହ ନୀତି ସମ୍ପନ୍ନ କରାଯାଇଛି। ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ସନ୍ଧ୍ୟାଧୂପ ସମ୍ପନ୍ନ ପରେ ଦକ୍ଷିଣୀଘରୁ ଶ୍ରୀରାମଚନ୍ଦ୍ର ଏବଂ ଶ୍ରୀଲକ୍ଷ୍ମଣଙ୍କ ପ୍ରତିମୂର୍ତ୍ତିକୁ ମହାଜନ ସେବକମାନେ ଭିତରକୁ ବିଜେ କରି ରତ୍ନସିଂହାସନ ନିକଟକୁ ନେଇଥିଲେ। ପାଳିଆ ପୂଜାପଣ୍ଡା ସାମନ୍ତ ମହାପ୍ରଭୁଙ୍କଠାରୁ ଆଜ୍ଞାମାଳ ଆଣି ଚଳନ୍ତି ପ୍ରତିମା ଶ୍ରୀରାମ ଓ ଲକ୍ଷ୍ମଣଙ୍କୁ ପ୍ରଦାନ କରିଥିଲେ। ପରେ ମହାଜନ ସେବକ ଠାକୁରଙ୍କୁ ନେଇ ମୁକ୍ତିମଣ୍ଡପ ନିକଟ ପାଲିଙ୍କିରେ ବିଜେ କରାଇଥିଲେ। ସାହିଯାତ ନୀତି ନିମନ୍ତେ ଠାକୁର ପାଲିଙ୍କିରେ ଶ୍ରୀଜଗନ୍ନାଥ ବଲ୍ଲଭକୁ ବିଜେ କରିଥିଲେ। ସେଠାରେ ଠାକୁରମାନଙ୍କୁ ମଠର ଖଟଶେଯ ଉପରକୁ ବିଜେ କରାଯାଇଥିଲା। ଦୋଳମଣ୍ଡପ ସାହି ପକ୍ଷରୁ ଲଙ୍କାପୋଡ଼ି ନୀତି ପ୍ରସ୍ତାବ ଆଗତ ହେବା ସହ ହନୁମାନ ଓ ରାବଣ ଜଗନ୍ନାଥ ବଲ୍ଲଭକୁ ଯାଇ ନୀତି ସମ୍ପାଦନ କରିଥିଲେ। ଠାକୁରଙ୍କୁ ଶୀତଳ ଭୋଗ ମଣୋହି କରାଯିବା ପରେ ଶ୍ରୀମନ୍ଦିରକୁ ବାହୁଡ଼ା ବିଜେ କରିଥିଲେ। ଅପରପକ୍ଷରେ ଦୋଳମଣ୍ଡପ ସାହି ଆଖଡ଼ା ପକ୍ଷରୁ ସମସ୍ତ ନୀତି ସମ୍ପାଦନ ସହ ଯାତ ବାହାରିଥିଲା। ସାହିର ଯୁବକମାନେ ରାବଣ, ସପ୍ତଶିରା, ତ୍ରିଶାରା, କାଳୀ, ନାଗା ଆଦି ବେଶ ଓ ବିଭିନ୍ନ ପ୍ରକାର ମେଢ଼ ସହ ସମରକଳା ପ୍ରଦର୍ଶନ କରି ବାଦୀସାହି କୁଣ୍ଡେଇବେଣ୍ଟ ସାହିକୁ ଯାଇଥିଲେ। ସେହିପରି ସକାଳେ ଦୋଳମଣ୍ଡପ ସାହିରୁ ରାବଣ ବେଶଧାରୀ ବାହାରି ଶ୍ରୀମନ୍ଦିର ଯାଇ ମହାପ୍ରଭୁଙ୍କୁ ଦର୍ଶନ କରି ବିଭିନ୍ନ ସାହି ପରିକ୍ରମା କରିଥିଲେ। ସୂଚନାଯୋଗ୍ୟ, ରାମଜନ୍ମ ନୀତିଠାରୁ ଆରମ୍ଭ ହୋଇଥିବା ସାହିଯାତ ରାମାଭିଷେକ ନୀତିରେ ଶେଷହେବ।

# ପ୍ରକୃତି ସୁରକ୍ଷା ଆହ୍ୱାନରେ ୭୦୦ କି.ମି. ପଦଯାତ୍ରା



ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ପହଞ୍ଚିଥିବା ପଦଯାତ୍ରା ।

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ପ୍ରକୃତି ସୁରକ୍ଷା ପଦଯାତ୍ରା ମାଲକାନଗିରିରୁ ଆରମ୍ଭ ହୋଇ ୭୦୦ କି.ମି. ଅତିକ୍ରମ କରି ଶନିବାର ପୁରୀ ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ପହଞ୍ଚିଛି। ପ୍ରକୃତି ସୁରକ୍ଷା ପାଇଁ ଏହି ପଦଯାତ୍ରା ଦଳ, ଦୀପଦାନ ତଥା ସଂକୀର୍ତ୍ତନ ସହ ଶ୍ରୀମନ୍ଦିର ପରିକ୍ରମା ଏବଂ ଉତ୍କଳମଣି ଗୋପବନ୍ଧୁ ଦାସଙ୍କୁ ମାଲ୍ୟାର୍ପଣ କରି ଗୁଣ୍ଡିଚା ମନ୍ଦିର ସମ୍ମୁଖରେ ପହଞ୍ଚିଥିଲେ। ଭୋଳାନାଥ ବିଦ୍ୟାପୀଠର ପୃଥିବୀ ସଂସଦ ଜାତୀୟ ସମ୍ମିଳନୀ କକ୍ଷରେ ପହଞ୍ଚିବା ପରେ ଏହି ପଦଯାତ୍ରୀ ଦଳଙ୍କୁ ଓଡ଼ିଶୀ ନୃତ୍ୟ, ସଙ୍ଗୀତ, ଡ୍ରମ୍ ବାଦ୍ୟ ଓ ପରେଡ୍ ପୂର୍ବକ ସ୍ୱାଗତ କରି ପାଛୋଟି ନିଆଯାଇଥିଲା। ଏହି କାର୍ଯ୍ୟକ୍ରମରେ ଚିଲିକା ଆନ୍ଦୋଳନର ଆଦ୍ୟ ପ୍ରବକ୍ତା ଚିତ୍ତରଞ୍ଜନ ଷଡ଼ଙ୍ଗୀ, ଆଇଆଇଟି କାନପୁରର ପ୍ରାକ୍ତନ ପ୍ରଫେସର ଡ. ଗଣେଶ ବଗଡ଼ିଆ, ଅର୍ଥନୀତି ବିଶାରଦ ସୁଦର୍ଶନ ଆୟଙ୍ଗର, ଡ. ଅଶ୍ୱିନୀ ଜ୍ୱାଲା, ଶିକ୍ଷାବିତ୍ ବିଜୟ ଭାରତୀ, ରବୀନ୍ଦ୍ରନାଥ ଥାଟୋଇ, ରାଓତ ରାମ୍‌ଜୀ, ଡ. ବିଭା ଗୁପ୍ତା, ଉଦ୍ଧବ ସାଓ୍ୱେଲ, ଡ. ବଦ୍ରି ମିଶ୍ର, ସ୍ୱରାଜ ମିଶ୍ର, ସୁରେନ୍ଦ୍ରନାଥ ଦାସ, ରମେଶ ଚନ୍ଦ୍ର ପଣ୍ଡା, ମନୋରଞ୍ଜନ ମିଶ୍ର ଏବଂ ଭୋଳାନାଥ ବିଦ୍ୟାପୀଠର ପ୍ରଧାନ ଶିକ୍ଷକ ପ୍ରମୁଖ ଯୋଗଦାନ କରିଥିଲେ।

## ଆୟୁଷ୍ମାନ ସ୍ୱାସ୍ଥ୍ୟ କାର୍ଡ ବଣ୍ଟନ

କଣାସ,୧୨।୪(ବିଭୂତି ଭୂଷଣ ତ୍ରିପାଠୀ)

ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା, ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଓ ଆୟୁଷ୍ମାନ ବୟୋବନ୍ଦନା ଯୋଜନାର ଶୁକ୍ରବାର ଶୁଭାରମ୍ଭ ହୋଇଯାଇଛି। କଣାସ ବ୍ଲକର ମନ୍ଦାରବସ୍ତଠାରେ ଥିବା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ର ସ୍ୱାସ୍ଥ୍ୟ କାର୍ଡ ବଣ୍ଟନର ଶୁଭାରମ୍ଭ କରିଥିଲେ। ସେହିପରି ସାହୁପଡ଼ା, ହରଚଣ୍ଡୀ ପ୍ରସାଦ, ନନ୍ଦିଗୋଦା, ଗଡ଼ିଶାଗୋଦା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ସ୍ଥାନୀୟ ସରପଞ୍ଚ ଓ ଲୋକ ପ୍ରତିନିଧିମାନେ ସ୍ୱାସ୍ଥ୍ୟ କାର୍ଡ ବଣ୍ଟନର ଶୁଭାରମ୍ଭ କରିଥିଲେ। ମନ୍ଦାରବସ୍ତଠାରେ କଣାସ ମଣ୍ଡଳ ଉନ୍ନୟନ ଅଧିକାରୀ ସୌମ୍ୟରଞ୍ଜନ ସ୍ୱାଇଁ, କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଭାରପ୍ରାପ୍ତ ଅଧିକାରୀ ଡାକ୍ତର କ୍ଷମାନିଧି ସେଠୀ, ଶିଶୁ ବିକାଶ ଅଧିକାରିଣୀ ସ୍ମିତା ମହାନ୍ତି, ଡାକ୍ତର ବିଶ୍ୱରଞ୍ଜନ ଜେନା, ବ୍ଲକ ଜନସ୍ୱାସ୍ଥ୍ୟ ଅଧିକାରୀ ସ୍ୱର୍ଣ୍ଣଲତା ରଥ, ସ୍ଥାନୀୟ ଅଙ୍ଗନୱାଡି କର୍ମୀ, ସ୍ୱାସ୍ଥ୍ୟକର୍ମୀ, ଆଶା କର୍ମୀ ପ୍ରମୁଖ ଉପସ୍ଥିତ ଥିଲେ।

# ବରପୁତ୍ରଙ୍କ ଆଦର୍ଶ, ବାଣୀ ଆମ ପାଇଁ ମାର୍ଗଦର୍ଶକ

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ଓଡ଼ିଆ ପକ୍ଷ ପାଳନର ଦ୍ୱାଦଶ ଦିବସ ଶନିବାର ପୁରୀ ଜିଲା ପ୍ରଶାସନ ପକ୍ଷରୁ ବନ୍ଦନୀୟ ବରପୁତ୍ର କାର୍ଯ୍ୟକ୍ରମ ପାଳନ କରାଯାଇଛି। ଏହି ଅବସରରେ ଜିଲା ଶିକ୍ଷା ପ୍ରତିଷ୍ଠାନ ସମ୍ମିଳନୀ କକ୍ଷରେ ଓଡ଼ିଶାର ବରପୁତ୍ରମାନଙ୍କ ସମ୍ପର୍କରେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ସୂଚନା ଓ ଲୋକସମ୍ପର୍କ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ଯୋଗଦେଇ କହିଥିଲେ, ବରପୁତ୍ରମାନେ ଚିରଅମର। ସେମାନଙ୍କ ଆଦର୍ଶ, ବାଣୀ ଓ ପ୍ରେରଣା ଆମ ସମସ୍ତଙ୍କ ପାଇଁ ମାର୍ଗଦର୍ଶକ। ସ୍ୱାଧୀନତା ସଂଗ୍ରାମୀ, ଶିକ୍ଷକ, ସାହିତ୍ୟିକ କିମ୍ବା ଯେକେହି ହୁଅନ୍ତୁ, ସେମାନଙ୍କ ଚିନ୍ତା ଓ ଚେତନା ପିଢ଼ି ପରେ ପିଢ଼ି ଧରି ଆମକୁ ଅନୁପ୍ରାଣିତ କରିଚାଲିଥିବ ବୋଲି ସେଠୀ କହିବା ସହ ସେମାନଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ମୁଖ୍ୟବକ୍ତା ଭାବେ ରାଜ୍ୟ ଭାଷା ପ୍ରତିଷ୍ଠାନର ପୂର୍ବତନ ନିର୍ଦ୍ଦେଶକ କୈଳାସ ଚନ୍ଦ୍ର ଟିକାୟତରାୟ ଯୋଗଦେଇ କହିଥିଲେ, ଚଳିତ ବର୍ଷ ଓଡ଼ିଆ ପକ୍ଷ ପାଳନ ଏକ ସୁନ୍ଦର ପଦକ୍ଷେପ। ଏହାଦ୍ୱାରା ଆମ ଓଡ଼ିଆତ୍ୱର ଗୌରବ ବୃଦ୍ଧି ପାଇବା ସହ ଆମେ ବିଶ୍ୱ ଦରବାରରେ ଆମ ମହାନ୍ ସଂସ୍କୃତି, ପରମ୍ପରା, ଐତିହ୍ୟ ଓ କଳାକୁ ପ୍ରଦର୍ଶନର ସୁଯୋଗ ପାଇପାରିବା। ସତ୍ୟବାଦୀ ଯୁଗର ବରପୁତ୍ରଙ୍କ ଉପରେ ସେ ଆଲୋକପାତ କରିଥିଲେ। ଜିଲା ସଂସ୍କୃତି ଅଧିକାରୀ ହେମନ୍ତ ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲା ଶିକ୍ଷା ପ୍ରତିଷ୍ଠାନ ଅଧ୍ୟକ୍ଷ ସନ୍ତୋଷ କୁମାର ପରିଡ଼ା, ସାହିତ୍ୟିକ ବିରେନ୍ଦ୍ର ମହାନ୍ତି, ରାଧାକାନ୍ତ ଦାଶ, ପ୍ରଭାକର ତ୍ରିପାଠୀ, ଅଧିବକ୍ତା ବିପିନବିହାରୀ ଦଳାଇ, ଶ୍ୟାମପ୍ରକାଶ ସେନାପତି ଯୋଗଦେଇ ବରପୁତ୍ରଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇବା ସହ ସେମାନଙ୍କ ଆଶୀର୍ବାଦ ଓ ସଂକଳ୍ପ ଆମ ସମସ୍ତଙ୍କୁ ଋଦ୍ଧିମନ୍ତ କରିବ ବୋଲି କହିଥିଲେ। ଉପଖଣ୍ଡ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ପ୍ରଦୀପ୍ତ କୁମାର ସେନାପତି ଧନ୍ୟବାଦ ଦେଇଥିଲେ। ପ୍ରାରମ୍ଭରେ ଜିଲା ଶିକ୍ଷା ପ୍ରତିଷ୍ଠାନ ପରିସରସ୍ଥ ବରପୁତ୍ରମାନଙ୍କ ପ୍ରତିମୂର୍ତ୍ତିରେ ଅତିଥିମାନେ ମାଲ୍ୟାର୍ପଣ କରିଥିବାବେଳେ ପ୍ରତିଷ୍ଠାନର ଛାତ୍ରୀମାନେ ଉତ୍କଳ ବନ୍ଦନା ଗାନ କରିଥିଲେ।

**ଜିଲା ପ୍ରଶାସନ ପକ୍ଷରୁ ବନ୍ଦନୀୟ ବରପୁତ୍ର କାର୍ଯ୍ୟକ୍ରମ**


ବନ୍ଦନୀୟ ବରପୁତ୍ର କାର୍ଯ୍ୟକ୍ରମରେ ମଞ୍ଚାସୀନ ଅତିଥି ।

# ଓଡ଼ିଆ ପକ୍ଷର ବିବିଧ କାର୍ଯ୍ୟକ୍ରମରେ ପ୍ରତିଯୋଗିତା, ନୃତ୍ୟ ପରିବେଷଣ

ବଳଙ୍ଗା,୧୨।୪
(କେଦାରେଶ୍ୱର ନନ୍ଦ)

ଓଡ଼ିଶା ସରକାରଙ୍କ ଉଚ୍ଚ ଶିକ୍ଷା ବିଭାଗର ନିର୍ଦ୍ଦେଶ ମୁତାବକ ବଳଙ୍ଗା ମହାବିଦ୍ୟାଳୟ ପ୍ରାଙ୍ଗଣରେ ଓଡ଼ିଆ ପକ୍ଷ ଅନ୍ତର୍ଗତ ବିବିଧ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଶୁଦ୍ଧ ଓଡ଼ିଆ ଲିଖନ ପ୍ରତିଯୋଗିତା ଆୟୋଜିତ ହୋଇ ବରିଷ୍ଠ ବର୍ଗର ସୁଧୃତି ମହାପାତ୍ର, ସରସ୍ୱତୀ ବେହେରା, ରୋଜାଲିନ ରାଉତ ଯଥାକ୍ରମେ ୧ମ, ୨ୟ, ୩ୟ ସ୍ଥାନ ଅଧିକାର କରିଥିଲେ। କନିଷ୍ଠ ବର୍ଗର ସରସ୍ୱତୀ ମାଝୀ, ଲକ୍ଷ୍ମୀପ୍ରିୟା ମିଶ୍ର ଓ ପିଙ୍କି ମହାପାତ୍ର ଯଥାକ୍ରମେ ୧ମ, ୨ୟ, ୩ୟ ସ୍ଥାନ ଅଧିକାର କରିଛନ୍ତି। ଅନୁରୂପ ଭାବେ ଓଡ଼ିଶାର ବରପୁତ୍ର ଶିକ୍ଷକ ପାଠ୍ୟକ୍ରମରେ ଅଂଶଗ୍ରହଣ କରି ବରିଷ୍ଠ ବର୍ଗର ରିଙ୍କି ସାହୁ, ସୁଧୃତି ମହାପାତ୍ର ଓ ରଶ୍ମିତା ରଥ ଯଥାକ୍ରମେ ୧ମ, ୨ୟ, ୩ୟ ହୋଇଥିବାବେଳେ କନିଷ୍ଠ ବର୍ଗର ସାହିସ୍ତା ଫିର୍ଦ୍ଦୋସ, ସରସ୍ୱତୀ ମାଝୀ ଓ ତ୍ରିନାଥ ମିଶ୍ର ଯଥାକ୍ରମେ ୧ମ, ୨ୟ, ୩ୟ ହୋଇ ପୁରସ୍କୃତ ହୋଇଛନ୍ତି। ଅଧ୍ୟକ୍ଷ ପ୍ରଭାତ କୁମାର ସାହୁ ଏଥିରେ ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥି ଭାବେ ଉପଜିଲାପାଳ ତଥା ପରିଚାଳନା ସମିତି ସଭାପତି ରାଜକିଶୋର ଜେନା ଉପସ୍ଥିତ ଥିଲେ। ସ୍ୱତନ୍ତ୍ର ଅତିଥି ରୂପେ ସ୍ଥାନୀୟ ପ୍ରଖ୍ୟାତ ପାଲା ଗାୟକ ପ୍ରମୋଦ କୁମାର ସାହୁ ଓ ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ପ୍ରସ୍ତର ଶିଳ୍ପୀ ଅକ୍ଷୟ ମହାରଣାଙ୍କୁ ଉତ୍ତରୀୟ, ମାନପତ୍ର, ଉପହାର ସହ ସମ୍ବର୍ଦ୍ଧିତ କରାଯାଇଥିଲା। ଛାତ୍ରୀ ସୁଧୃତି ମହାପାତ୍ରଙ୍କ ଓଡ଼ିଶୀ ନୃତ୍ୟ ପରିବେଷଣ ସହ ଓଡ଼ିଶାର ବରପୁତ୍ର ଓ ଓଡ଼ିଆ ସଂସ୍କୃତି ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। ଏଥିସହ ଓଡ଼ିଆ ପୁସ୍ତକ କ୍ରୟ ଅଭିଯାନର ଅୟମାରମ୍ଭ ହୋଇଯାଇଛି। କୃତୀ ଛାତ୍ରୀଛାତ୍ର ତଥା ଏନ୍‌ଏସ୍‌ଏସ୍‌ର ସ୍ୱେଚ୍ଛାସେବୀ ତ୍ରିନାଥ ମିଶ୍ର ଓ ଦୀପକ ସ୍ୱାଇଁ ହରିୟାଣାର ହିସାରଠାରେ ଆୟୋଜିତ ରାଷ୍ଟ୍ରୀୟ କାର୍ଯ୍ୟକ୍ରମରୁ ଫେରି ସମ୍ବର୍ଦ୍ଧିତ ହୋଇଥିଲେ। କାର୍ଯ୍ୟକ୍ରମକୁ ଓଡ଼ିଆ ଭାଷା ସାହିତ୍ୟ ବିଭାଗର ମୁଖ୍ୟ ଅଧ୍ୟାପକ ମିଥୁନ ମଲ୍ଲିକ ସଞ୍ଚାଳନା ଓ ଇତିହାସ ବିଭାଗର ଅଧ୍ୟାପକ ବଳଭଦ୍ର ରଥ ଧନ୍ୟବାଦ ଦେଇଥିଲେ। ମନୋବିଜ୍ଞାନ ଅଧ୍ୟାପକ ଅଶୋକ କୁମାର ସୁବୁଦ୍ଧିଙ୍କ ତତ୍ତ୍ୱାବଧାନରେ ବନ୍ଦେ ଉତ୍କଳ ଜନନୀ ଛାତ୍ରୀଛାତ୍ରଙ୍କ ଦ୍ୱାରା ପରିବେଷିତ ହୋଇଥିଲା।

## ଏପ୍ରିଲ ୧୫ରୁ ୨ମାସ ମାଛଧରା କଟକଣା

ଅସ୍ତରଙ୍ଗ,୧୨।୪ (ପ୍ରଦୀପ୍ତ କୁମାର ଦୀକ୍ଷିତ/ମମତା ଜେନା)

ସମୁଦ୍ରରୁ ମାଛ ମାରିବା ଉପରେ ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିଭାଗ ପକ୍ଷରୁ କଟକଣା ଜାରି କରାଯାଇଛି। ଏପ୍ରିଲ ୧୫ରୁ ଜୁନ୍ ୧୪ ପର୍ଯ୍ୟନ୍ତ ଦୀର୍ଘ ୬୧ ଦିନ ଧରି ଓଡ଼ିଶା ଉପକୂଳ ସମୁଦ୍ରରେ ବୋଟ, ଦେଶୀ ଓ ଯନ୍ତ୍ରଚାଳିତ ଡଙ୍ଗା ଦ୍ୱାରା ମାଛ ଧରିବା ନିଷିଦ୍ଧ କରାଯାଇଛି। କାରଣ ଏହିସମୟରେ ମାଛମାନେ ଅଣ୍ଡା ଦେଇ ଯାଆଁଳ ସୃଷ୍ଟି କରନ୍ତି। ଏଭଳି ବ୍ୟବସ୍ଥା ଦ୍ୱାରା ନଦୀ ଓ ସମୁଦ୍ରରେ ମତ୍ସ୍ୟ ଉତ୍ପାଦନ ବୃଦ୍ଧି କରାଯାଇଥାଏ। କଟକଣା ଉଲ୍ଲଂଘନକାରୀଙ୍କ ବିରୋଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି। ଏ ନେଇ ଅସ୍ତରଙ୍ଗ ମତ୍ସ୍ୟ ବିଭାଗ କାର୍ଯ୍ୟାଳୟ ପକ୍ଷରୁ କାଳିଆକଣ, ବାଲିଡିଆ, ନୂଆଗଡ, ସହନ, ଆଳସାହି ଆଦି ବିଭିନ୍ନ ସ୍ଥାନରେ ମତ୍ସ୍ୟଜୀବୀଙ୍କୁ ସଚେତନ କରାଯାଇଛି। ଅନ୍ୟପକ୍ଷରେ କଟକଣା ଯୋଗୁ ମତ୍ସ୍ୟଜୀବୀମାନେ ପରିବାର ପ୍ରତିପୋଷଣ ନେଇ ଚିନ୍ତାରେ ପଡ଼ିଛନ୍ତି।

## ପୁରୀ ଜିଲା ଓକିଲ ସଂଘ ନୂତନ କର୍ମକର୍ତ୍ତାଙ୍କ ଦାୟିତ୍ୱ ଗ୍ରହଣ

ପୁରୀ,୧୨।୪(ଅଜିତ୍ କୁମାର ମହାନ୍ତି)

ପୁରୀ ଜିଲା ଓକିଲ ସଂଘର ନବନିର୍ବାଚିତ କର୍ମକର୍ତ୍ତାମାନେ ଶନିବାର ଦାୟିତ୍ୱ ଗ୍ରହଣ କରିଛନ୍ତି। ନୂତନ ସଭାପତି ଭାବେ ପ୍ରେମାନନ୍ଦ ମହାନ୍ତି, ଉପସଭାପତି ବିଭୁଦତ୍ତ ପଟ୍ଟନାୟକ, ସାଧାରଣ ସମ୍ପାଦକ ଶରତ କୁମାର ରାୟଗୁରୁ, ଯୁଗ୍ମ ସମ୍ପାଦକ ଅନିଲ କୁମାର ସାହୁ, ଭାଗବତ ପ୍ରସାଦ ପଟ୍ଟନାୟକ ଓ ସମୀର ଘୋଷ, କାର୍ଯ୍ୟକାରୀ ସଭ୍ୟ ଜ୍ୟୋତିପ୍ରକାଶ ମହାନ୍ତି, କର୍ଣ୍ଣବୀର ମହାପାତ୍ର, ମନୋରଞ୍ଜନ ସାହୁ, ରାଜେଶ ମହାନ୍ତି ଏବଂ ତାପସ ରଞ୍ଜନ ବଳିୟାରସିଂ ପ୍ରମୁଖ କାର୍ଯ୍ୟଭାର ଗ୍ରହଣ କରିଛନ୍ତି। ସେମାନଙ୍କୁ ଆଇନଜୀବୀମାନେ ସ୍ୱାଗତ କରିଥିଲେ। ଦାୟିତ୍ୱ ଗ୍ରହଣ ପରେ କର୍ମକର୍ତ୍ତାମାନେ ଜିଲା କୋର୍ଟ ପରିସର ବୁଲିଥିଲେ। ତେବେ କୋର୍ଟ ଉଠିଯିବା ପ୍ରସଙ୍ଗକୁ ନେଇ ଚାଲିଥିବା ୪୫ ଦିନର ସତ୍ୟାଗ୍ରହ ଆନ୍ଦୋଳନକୁ ଜୋର୍‌ଦାର କରାଯିବା ସହ ଆସନ୍ତା ୧୯ ତାରିଖରେ ଏକ ସଭା ଓ ଆଲୋଚନାଚକ୍ର ଅନୁଷ୍ଠିତ ହେବ ବୋଲି ସମ୍ପାଦକ ରାୟଗୁରୁ ଏହି ଅବସରରେ ସୂଚନା ଦେଇଛନ୍ତି।

## କୁନଙ୍ଗ ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ

କୋଣାର୍କ,୧୨।୪(ଜ୍ୟୋତିରାଜ ମହାନ୍ତି)

ଭୈରବ ନୋଡାଲ ୟୁପିଏସ୍ କ୍ଲଷ୍ଟର ଅନ୍ତର୍ଗତ କୁନଙ୍ଗ ପ୍ରକଳ୍ପ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ରେଖା ଦେଈଙ୍କ ପୌରୋହିତ୍ୟରେ ବାର୍ଷିକ ଉତ୍ସବ ଏବଂ 'ଆମ ସଂସ୍କୃତି ଆମ ଖେଳଣା' କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ଏଥିରେ ନାଖଣ୍ଡି ସରପଞ୍ଚ ପ୍ରଜ୍ଞାପାରମିତା ନାୟକ, ସମିତି ସଭ୍ୟା ଭାରତୀ ଦେଈ, ପୂର୍ବତନ ପ୍ରଧାନ ଶିକ୍ଷକ ହୃଦୟ କୁମାର ବଡ଼ପଣ୍ଡା, ସ୍କୁଲ ପରିଚାଳନା କମିଟି ସଭାନେତ୍ରୀ ଅନସୂୟା ମୁରୁଡ଼ି ଅତିଥି ରୂପେ ଯୋଗଦେଇ ଛାତ୍ରୀଛାତ୍ରୀଙ୍କୁ ପୁରସ୍କାର ବିତରଣ କରିଥିଲେ। ଶିକ୍ଷୟିତ୍ରୀ ଶୁଭସ୍ମିତା ନାୟକ ଉତ୍ସବ ପରିଚାଳନାରେ ସହଯୋଗ କରିଥିଲେ। ଏଥିରେ ସିଆର୍‌ସିସି ରବୀନ୍ଦ୍ରନାଥ ବାହିନୀପତି ଯୋଗଦେଇ 'ଆମ ସଂସ୍କୃତି ଆମ ଖେଳଣା' କାର୍ଯ୍ୟକ୍ରମର ଆଭିମୁଖ୍ୟ ସ୍ପଷ୍ଟ କରିଥିଲେ।

**ଓଡ଼ିଶା ସରକାର**
**ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ**
**ଜନସାଧାରଣଙ୍କ ନିମନ୍ତେ ବିଶେଷ ସୂଚନା**

No. T-07: ଏତଦ୍ଦ୍ୱାରା ରାଜ୍ୟର ସମସ୍ତ ଜନସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ଆସନ୍ତା ସୋମବାର, ଇଂରାଜୀ ତା**14.04.2025**ରିଖ ସରକାରୀ ଛୁଟିଦିନ ଥିବାରୁ ୟୁନିଟ୍-୫, ଭୁବନେଶ୍ୱରସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠଠାରେ ମୁଖ୍ୟମନ୍ତ୍ରୀଙ୍କ **ଅଭିଯୋଗ ଶୁଣାଣି ବନ୍ଦ ରହିବ**। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ।

ଅତିରିକ୍ତ ମୁଖ୍ୟ ଶାସନ ସଚିବ
OIPR-09014/11/0086/2526 ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ

ବିଜ୍ଞାପନ ସଂ. ୩୨/୨୦୨୫
**ଭାରତ ସରକାର**
**ସର୍ବସାଧାରଣ ଉଦ୍ୟୋଗ ଚୟନ ବୋର୍ଡ**
**ମେକନ୍ ଲିମିଟେଡ୍‌ରେ ନିର୍ଦ୍ଦେଶକ (ପ୍ରକଳ୍ପ)**
ପଦବୀ ପାଇଁ ଦରଖାସ୍ତ ଆହ୍ୱାନ କରୁଛନ୍ତି ।
ଆବେଦନକାରୀଙ୍କ ଦ୍ୱାରା ଆବେଦନ ଦାଖଲ କରାଯିବାର ଶେଷ ତାରିଖ ହେଉଛି **୦୫ ମେ, ୨୦୨୫** (୧୫.୦୦ ଘଟିକା ସୁଦ୍ଧା)
ନୋଡାଲ୍ ଅଧିକାରୀଙ୍କ ଦ୍ୱାରା ଆବେଦନଗୁଡ଼ିକୁ ପିଇଏସ୍‌ବି ନିକଟକୁ ଫରୱାର୍ଡ କରାଯିବାର ଶେଷ ତାରିଖ ହେଉଛି
**୧୪ ମେ, ୨୦୨୫** (୧୭.୦୦ ଘଟିକା ସୁଦ୍ଧା) ।
ବିବରଣୀ ପାଇଁ https://pesb.gov.in ରେ ଲଗ୍ ଇନ୍ କରନ୍ତୁ ।
CBC 40110/12/0001/2526

No. CAD-99
OBCC
**ଓଡ଼ିଶା ସେତୁ ଓ ନିର୍ମାଣ ନିଗମ ଲିଃ.**
(ଓଡ଼ିଶା ସରକାରଙ୍କ ପୂର୍ତ୍ତ ବିଭାଗ ଅଧୀନର ଏକ ଉଦ୍ୟୋଗ)
**ODISHA BRIDGE & CONSTRUCTION CORPORATION LIMITED**
(A Government of Odisha Undertaking under Works Department)
No. 3776 Date: 10.04.25
File: SMT-2055 (Vol-II)

**NOTICE INVITING TENDER**

| | | | |
|---|---|---|---|
| 1. | Name of Work | : | Development and Beautification of Pathra Puskarinee near Alam Chandi Mandir, Puri under ABADHA Scheme |
| 2. | Bid Identification No. | : | 02/Tender/OBCC/2025-26 |
| 3. | Class of Contractor | : | "A" Class |
| 4. | Bid Processing Fee (Only in Online Mode) | : | Rs.11,800 (Including GST) |
| 5. | Date of availability of bid document in e-procurement portal | : | From Dt.15.04.2025 |
| 6. | Last date & time of receipt of online bid | : | Upto 05.00 P.M. of Dt.24.04.2025 |
| 7. | Date of Bid Opening | : | 25.04.2025 at 11.30 A.M. |
| 8. | Project Completion Duration | : | 6 (Six) Calendar Months |
| 9. | Further details can be seen from the e-Procurement portal **https://www.tendersodisha.gov.in**. | | |
| 10. | OBCC has the right to accept or reject the Notice/ DTCN without assigning any reasons thereof. | | |

Sd./- EIC-cum-Managing Director
OIPR-34106/11/0017/2526

**झारखण्ड सरकार**
**झारखण्ड खनिज क्षेत्र विकास प्राधिकार, धनबाद।**
(लुबी सर्कुलर रोड, हीरापुर धनबाद 826001)

**ई–प्रोक्योरमेन्ट सूचना अति अल्पकालिन (प्रथम आमंत्रण)**
ई–निविदा सूचना संख्या – **04/JMADA/2025-26** धनबाद, दिनांक – **11-04-2025**

| | | |
|---|---|---|
| 1 | निविदा आमंत्रित करने वाले पदाधिकारी का नाम/पदनाम :- | प्रबंध निदेशक, झारखंड खनिज क्षेत्र विकास प्राधिकार, धनबाद। |
| 2 | वेबसाइट पर निविदा प्रकाशन की तिथि | 16-04-2025 समय 02.00 बजे अपराह्न तक |
| 3 | निविदा प्राप्ति (ऑन लाईन बिडींग) की अन्तिम तिथि एवं समय | 05-05-2025 समय 04.00 बजे अपराह्न तक |
| 4 | सरकार के सचिव, सूचना प्रौद्योगिकी एवं ई–गवर्नेस, झारखंड मंत्रालय के ज्ञापांक–120 दिनांक–03.10.2023 के आलोक में विपत्र का मूल्य एवं अग्रधन का राशि ऑनलाईन जमा करने का अंतिम तिथि एवं समय | 05-05-2025 समय 04.00 बजे अपराह्न तक |
| 5 | तकनीकी बिड खोलने की तिथि एवं समय | 06-05-2025 समय 05:00 बजे अपराह्न |
| 6 | तकनीकी बिड खोलने का स्थान | तकनीकी सदस्य का कार्यालय झारखण्ड खनिज क्षेत्र विकास प्राधिकार, धनबाद। |
| 7 | निविदा आमंत्रित करने के सम्बन्ध में विशेष जानकारी हेतु सम्पर्क संख्या– | **9939842423 / 8789532628** |

| | कार्य का नाम | प्राक्कलित राशि (रू० में) | अग्रधन की राशि 2% | परिमाण विपत्र का मूल्य (रू० में) | कार्य पूर्ण करने की अवधि |
|---|---|---|---|---|---|
| 1 | **Supplying, Installation, Testing and Commissioning of 3 MVA 11KV /3.3KV Copper Wound Out Door Type Power Transformer & its allied work at Damodar Head Works Jamadoba under JMADA, Dhanbad.** | 1,29,33,000.00 | 2,58,700.00 | 10,000.00 | 06 माह |

नोट – केवल ई निविदा ही स्वीकार किये जायेंगे।
❖ उपरोक्त किसी तिथि को अवकाश घोषित होने पर अगले कार्य दिवस की तिथि को माना जायेगा।
❖ ऐसे संवेदक जिन्हें नगर विकास एवं आवास विभाग, झारखंड का निबंधन प्राप्त नहीं है वे भी निविदा में भाग ले सकते है बशर्ते कि वैसे सफल निविदादाता को एकरारनामा के पूर्व नगर विकास एवं आवास विभाग, झारखण्ड, में निबंधन पत्र प्राप्त कर लेना होगा।
❖ निविदा की सूचना तथा नियम शर्ते की जानकारी कार्यपालक अभियंता (जलापूर्ति), झारखंड खनिज क्षेत्र विकास प्राधिकार, धनबाद कार्यालय से प्राप्त की जा सकती है। निविदा की जानकारी के लिए वेवसाईट http://jharkhandtender.gov.in पर देखा जा सकता है।

ह0/–
कार्यपालक अभियंता,
झमाडा, धनबाद।
PR 350274 (Drinking Water and Sanitation) 25-26 (D)

**ଫ୍ୟାକ୍ଟ୍ରିରେ ବିସ୍ଫୋରଣ, ୫ ମୃତ**

ମହାରାଷ୍ଟ୍ରର ନାଗପୁରସ୍ଥିତ ଉମରେଡ୍ ଅଞ୍ଚଳରେ ଥିବା ଏକ ଆଲୁମିନିୟମ ଫଏଲ ଫ୍ୟାକ୍ଟ୍ରିରେ ଶନିବାର ବିସ୍ଫୋରଣ ଘଟି ୫ ଜଣଙ୍କର ମୃତ୍ୟୁ ଘଟିଛି। ବିସ୍ଫୋରଣ ସମୟରେ କାରଖାନାରେ ୮୭ ଜଣ ଲୋକ ଉପସ୍ଥିତ ଥିବା ପୋଲିସ କହିଛି। ଫ୍ୟାକ୍ଟ୍ରିର ପଲିଶ ଟ୍ୟୁବିଙ୍ଗ ୟୁନିଟରେ ବିସ୍ଫୋରଣ ଘଟିଥିବାବେଳେ ପୋଲିସ ବିସ୍ଫୋରଣର କାରଣ ସମ୍ପର୍କରେ ଯାଞ୍ଚ କରୁଛି।

# ୱାକ୍ଫ ଆଇନ: ଉଗ୍ର ହେଲା ବିକ୍ଷୋଭ

- ମୁର୍ଶିଦାବାଦ ହିଂସାରେ ୩ ମୃତ
- ୧୧୮ ଗିରଫ, ଇଣ୍ଟରନେଟ୍ ସେବା ବନ୍ଦ
- ତ୍ରିପୁରା, ମଣିପୁରରେ ବିକ୍ଷୋଭ

କୋଲକାତା,୧୨।୪

ୱାକ୍ଫ ସଂଶୋଧନ ଆଇନ ବିରୋଧରେ ବିକ୍ଷୋଭ ଉଗ୍ରରୂପ ନେଇଛି। ପଶ୍ଚିମବଙ୍ଗର ମୁସଲମାନବହୁଳ ମୁର୍ଶିଦାବାଦ ଜିଲାରେ ଶୁକ୍ରବାର ଆରମ୍ଭ ହୋଇଥିବା ବିକ୍ଷୋଭ ହିଂସାତ୍ମକ ରୂପ ନେଇଥିବାବେଳେ ଏଥିରେ ବାପପୁଅଙ୍କ ସମେତ ୩ ଜଣଙ୍କ ମୃତ୍ୟୁ ଘଟିବା ସହ ଅନେକ ଆହତ ହୋଇଛନ୍ତି। ସମଶରଗଞ୍ଜ ଅଞ୍ଚଳର ଜାଫ୍ରାବାଦରେ ବାପପୁଅ ହରଗୋବିନ୍ଦ ଦାସ ଓ ଚନ୍ଦନଙ୍କୁ ଦୁର୍ବୃତ୍ତମାନେ ଛୁରାମାଡ଼ କରିଥିଲେ। ସୂତି ଅଞ୍ଚଳର ସଜୁର ମୋରେଠାରେ ଗୁଳିମାଡ଼ରେ ଗୁରୁତର ୨୧ ବର୍ଷୀୟ ଯୁବକ ଇଜାଜ ମୋମିନ ଶୁକ୍ରବାର ହସ୍ପିଟାଲରେ ପ୍ରାଣ ହରାଇଛନ୍ତି। ବିକ୍ଷୋଭକାରୀମାନେ ପୋଲିସ ଭ୍ୟାନ୍ ସମେତ କେତେକ ଗାଡ଼ି ଜାଳିଦେଇଥିଲେ। ହିଂସାପ୍ରବଣ ଜାଙ୍ଗିପୁରରେ କେନ୍ଦ୍ରୀୟ ସୁରକ୍ଷା ବଳ ନିୟୋଜିତ କରିବା ପାଇଁ କୋଲକାତା ହାଇକୋର୍ଟର ସ୍ୱତନ୍ତ୍ର ଖଣ୍ଡପୀଠ ଶନିବାର ନିର୍ଦ୍ଦେଶ ଦେଇଛନ୍ତି। ୱାକ୍ଫ ଆଇନ ପ୍ରତ୍ୟାହାର ଦାବିକରି ତ୍ରିପୁରାର ଉନାକୋଟି ଜିଲାରେ ଶନିବାର ବିକ୍ଷୋଭ ବେଳେ ହିଂସାରେ ଅନ୍ୟୂନ ୧୮ ଜଣ


ମୁର୍ଶିଦାବାଦର ସମଶେରଗଞ୍ଜରେ ଉତ୍ତ୍ୟକ୍ତ ଲୋକେ ପୋଲିସ ଗାଡ଼ିରେ ନିଆଁ ଲଗାଇଦେଇଛନ୍ତି।

ଆହତ ହୋଇଛନ୍ତି। ମଣିପୁରର ଇମ୍ଫାଲ ସମେତ ବିଭିନ୍ନ ଅଞ୍ଚଳରେ ଅନେକ ହଜାର ଲୋକ ଶୁକ୍ରବାର ୱାକ୍ଫ ବିରୋଧୀ ବିକ୍ଷୋଭରେ ସାମିଲ ହୋଇଥିଲେ।

ମୁର୍ଶିଦାବାଦ ହିଂସାରେ ସମ୍ପୃକ୍ତ ୧୧୮ ଜଣଙ୍କୁ ଗିରଫ କରାଯାଇଥିବାବେଳେ ଉତ୍ତେଜନା ଜାରି ରହିଥିବାରୁ ଇଣ୍ଟରନେଟ୍ ସେବା ବନ୍ଦ କରାଯାଇଛି। ସମ୍ବେଦନଶୀଳ ସୀମାନ୍ତ ଅଞ୍ଚଳରେ ବିଏସ୍ଏଫ୍ ଯବାନଙ୍କୁ ମୁତୟନ କରାଯାଇଛି। ହିଂସାରେ ସମ୍ପୃକ୍ତ ବ୍ୟକ୍ତିଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପୋଲିସ ଡିଜି ରାଜୀବ କୁମାର କହିଛନ୍ତି। ହିଂସାକୁ ଦୃଷ୍ଟିରେ ରଖି ମାଲଦା, ମୁର୍ଶିଦାବାଦ, ଦକ୍ଷିଣ ୨୪ ପ୍ରଗଣା ଏବଂ ହୁଗ୍ଲି ଜିଲାରେ ବ୍ୟାପକ ପୋଲିସ ମୁତୟନ କରାଯାଇଛି। ଅଧିକ ଲୋକ ରୁଣ୍ଡ ନ ହେବା ଏବଂ ଆଇନ ଶୃଙ୍ଖଳା ସ୍ଥିତି ଯେପରି ନ ଉପୁଜେ ସେଥି ପ୍ରତି ସତର୍କ ଦୃଷ୍ଟି ରଖାଯାଇଛି। ସୋସିଆଲ ମିଡିଆରେ ପ୍ରସାରିତ ଗୁଜବରେ ବିଶ୍ୱାସ ନ କରିବାକୁ ଲୋକମାନଙ୍କୁ ନିବେଦନ କରାଯାଇଛି। ହିଂସାକାଣ୍ଡ ପାଇଁ ଭାଜପା ମମତା ବାନାର୍ଜୀଙ୍କ ସରକାରଙ୍କୁ ଦାୟୀ କରିଛି। ରାଜ୍ୟ ସରକାର ସ୍ଥିତି ନିୟନ୍ତ୍ରଣ କରିପାରୁ ନ ଥିଲେ କେନ୍ଦ୍ର ସରକାରଙ୍କ ସହାୟତା ପାଇଁ ନିବେଦନ କରିବା ଆବଶ୍ୟକ ବୋଲି ବିରୋଧୀ ଦଳ କହିଛି। ସରକାରୀ ସମ୍ପତ୍ତି ନଷ୍ଟ କରାଯିବା ସହ ଅଫିସରମାନେ ଭୟଭୀତ ହୋଇ ରହିଛନ୍ତି। ଭୟ ଏବଂ ଆତଙ୍କର ବାତାବରଣ ସୃଷ୍ଟି କରାଯାଉଥିବା ବେଳେ ମମତା ବାନାର୍ଜୀ ସରକାର ନୀରବ ଦର୍ଶକ ସାଜିଛନ୍ତି। ହିଂସାରେ ସମ୍ପୃକ୍ତ ଓ ଷଡ଼ଯନ୍ତ୍ରକାରୀମାନଙ୍କୁ ଚିହ୍ନଟ କରି କଠୋର ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଭାଜପା ନେତା ଶୁଭେନ୍ଦୁ ଅଧିକାରୀ ଆହ୍ୱାନ ଦେଇଛନ୍ତି।

ତ୍ରିପୁରାର ଉନାକୋଟି ଜିଲାରେ ଶନିବାର ବିକ୍ଷୋଭ ବେଳେ ହିଂସା ଦେଖାଦେଇଥିଲା। ମଣିପୁରର ଇମ୍ଫାଲ ସମେତ ବିଭିନ୍ନ ଅଞ୍ଚଳରେ ଶୁକ୍ରବାର ୱାକ୍ଫ ବିରୋଧୀ ବିକ୍ଷୋଭ ଅନୁଷ୍ଠିତ ହୋଇଛି। ଆଇନ ରଦ୍ଦ ନ ହେଲେ ମଣିପୁରରେ ଜିହାଦ କରାଯିବ ବୋଲି ସେମାନେ ଧମକ ଦେଇଛନ୍ତି। ରାଜ୍ୟ ରାଜଧାନୀର ମନ୍ତ୍ରୀପୁଖ୍ରୀ ଏବଂ ହାଟ୍ଟା ଗୋଲପତିଠାରେ ମେଇତି ପଙ୍ଗାଲମାନେ ବିକ୍ଷୋଭ କରିବା ସହ କେନ୍ଦ୍ର ସରକାରଙ୍କୁ ସମାଲୋଚନା କରିଛନ୍ତି। ସରକାରଙ୍କ ଜାତିଆଣ ରାଜନୀତିକୁ ଆମେ ଦୃଢ଼ ନିନ୍ଦା କରୁଛୁ। ମସ୍‌ଜିଦ, ମଦ୍ରାସା, କବରସ୍ଥାନଗୁଡ଼ିକର ସୁରକ୍ଷା କରାଯାଉ ବୋଲି ସେମାନେ ସ୍ଲୋଗାନ ଦେଇଥିଲେ। ୱାକ୍ଫ ଆଇନ ଏବଂ ୱାକ୍ଫ ସମ୍ପତ୍ତି ହସ୍ତାନ୍ତରକୁ ଆମେ ପ୍ରତ୍ୟାଖ୍ୟାନ କରୁଛୁ ଲେଖାଥିବା ପ୍ଲାକାର୍ଡ ଧରି ସେମାନେ ଭାଜପା ବିରୋଧରେ ସ୍ଲୋଗାନ ଦେଇଥିଲେ। କ୍ଷେତ୍ରିଗାଓ ନିର୍ବାଚନ ମଣ୍ଡଳୀରେ ଅନୁଷ୍ଠିତ ବିକ୍ଷୋଭରେ ବିଧାୟକ ଶେଖ୍ ନୁରୁଲ ହାସନ ସାମିଲ ହୋଇଥିଲେ। ଇମ୍ଫାଲ ଇଷ୍ଟ ଜିଲାର ୟାଇରିପୋକ୍ ତୁଲିହାଲରେ ମଧ୍ୟ ଅନୁରୂପ ବିକ୍ଷୋଭ ହୋଇଛି।

## ରାଜନୀତି ନାଁରେ ଦଙ୍ଗା ଉସୁକାଅ ନାହିଁ: ମମତା

କୋଲକାତା,୧୨।୪


ମମତା ବାନାର୍ଜୀ

ପଶ୍ଚିମବଙ୍ଗରେ ୱାକ୍ଫ ସଂଶୋଧନ ଆଇନ ବିରୋଧରେ ହିଂସା ଉଗ୍ର ରୂପ ନେଇଥିବାବେଳେ ଏହି ଆଇନକୁ ରାଜ୍ୟରେ ଲାଗୁ କରାଯିବ ନାହିଁ ବୋଲି ଶନିବାର ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ପୁଣିଥରେ ପ୍ରତିଶ୍ରୁତି ଦେଇଛନ୍ତି। ଏହି ଆଇନ କେନ୍ଦ୍ର ସରକାର ଆଣିଛନ୍ତି, ଯାହାକୁ ନେଇ ବିକ୍ଷୋଭ ଦେଖାଦେଇଛି। ତେଣୁ ସେମାନଙ୍କୁ ଜବାବ ମଗାଯାଉ। ସବୁ ଧର୍ମର ଲୋକମାନେ ଶାନ୍ତ ଓ ସଂଯମ ରହିବା ପାଇଁ ମମତା ନିବେଦନ କରିଛନ୍ତି। ପ୍ରତ୍ୟେକ ମାନବ ଜୀବନ ମୂଲ୍ୟବାନ। ରାଜନୀତି ନାଁରେ ଦଙ୍ଗାକୁ ନ ଉସୁକାଇବାକୁ ସେ ପରାମର୍ଶ ଦେଇଛନ୍ତି। କେତେକ ଦଳ ରାଜନୈତିକ ଫାଇଦା ପାଇଁ ଧର୍ମର ଦୁରୁପଯୋଗ କରିବାକୁ ଉଦ୍ୟମ କରୁଛନ୍ତି। ୱାକ୍ଫ ଆଇନକୁ ଆମେ ସମର୍ଥନ କରୁନାହୁଁ ଓ ଏହା ଆମ ରାଜ୍ୟରେ ଲାଗୁ ହେବନାହିଁ। ତେବେ ଦଙ୍ଗା କ'ଣ ପାଇଁ ହେଉଛି ବୋଲି ମମତା ପ୍ରଶ୍ନ କରିଛନ୍ତି।

## ସଂକ୍ଷେପରେ

### ପାକିସ୍ତାନରେ ଭୂକମ୍ପ

**କଶ୍ମୀରରେ ପ୍ରଭାବ ଅନୁଭୂତ**

ଶ୍ରୀନଗର, ୧୨।୪

ପାକିସ୍ତାନରେ ଶନିବାର ଦ୍ୱିପହର ସମୟରେ ୨ଟି ଶକ୍ତିଶାଳୀ ଭୂକମ୍ପ ଝଟକା ଅନୁଭୂତ ହୋଇଛି। ପ୍ରଥମ ଝଟକା ଦ୍ୱିପହର ୧୨ଟା ୩୧ରେ ଅନୁଭୂତ ହୋଇଥିବାବେଳେ ଦ୍ୱିତୀୟ ଝଟକା ଏହାର ଅଧଘଣ୍ଟା ପରେ ଅନୁଭୂତ ହୋଇଛି। ଜାତୀୟ ଭୂକମ୍ପ ନିରୀକ୍ଷଣ କେନ୍ଦ୍ର (ଏନ୍‌ସିଏସ୍) ଅନୁଯାୟୀ, ରାୱଲପିଣ୍ଡିର ୬୦ କି.ମି. ଉତ୍ତର ପଶ୍ଚିମ ଦିଗରେ ଭୂମିଠାରୁ ୧୦ କି.ମି. ଗଭୀରରେ ଏହି ଭୂକମ୍ପର କେନ୍ଦ୍ରସ୍ଥଳ ରହିଛି। ରିକ୍ଟର ସ୍କେଲରେ ଏହାର ତୀବ୍ରତା ୫.୮ ରହିଛି। ଏହି ଭୂକମ୍ପର ପ୍ରଭାବ ଭାରତର ଜମ୍ମୁ-କଶ୍ମୀରରେ ଦେଖିବାକୁ ମିଳିଥିବା ନେଇ ଏନ୍‌ସିଏସ୍ କହିଛି। ତେବେ ବର୍ତ୍ତମାନ ସୁଦ୍ଧା ଏହି ଭୂମିକମ୍ପରେ କୌଣସି କ୍ଷୟକ୍ଷତି ହୋଇଥିବାର ରିପୋର୍ଟ ଆସିନାହିଁ।

### ସୁଖବୀର ଅକାଳୀ ଦଳ ଅଧକ୍ଷ ପୁନଃ ନିର୍ବାଚିତ


ସୁଖବୀର ସିଂ ବାଦଲ

ଚଣ୍ଡିଗଡ଼,୧୨।୪

ସୁଖବୀର ସିଂ ବାଦଲ ଶିରୋମଣି ଅକାଳୀ ଦଳ (ଏସ୍ଏଡି)ର ଅଧକ୍ଷ ଭାବେ ଶନିବାର ନିର୍ଦ୍ୱନ୍ଦ୍ୱରେ ପୁନଃ ନିର୍ବାଚିତ ହୋଇଛନ୍ତି। ଧର୍ମୀୟ ଅସଦାଚରଣ ପାଇଁ ସେ ଗତବର୍ଷ ନଭେମ୍ବରରେ ଅଧକ୍ଷ ପଦରୁ ଇସ୍ତଫା ଦେଇଥିଲେ। ପଞ୍ଜାବ ଏବଂ ଅନ୍ୟ ରାଜ୍ୟର ୫୨୪ ଜଣ ପ୍ରତିନିଧି ସୁଖବୀରଙ୍କୁ ସମର୍ଥନ ଜଣାଇଥିଲେ। ବାପା ପ୍ରକାଶ ସିଂ ବାଦଲଙ୍କ ପରେ ୨୦୦୮ରେ ସୁଖବୀର ପ୍ରଥମ ଥର ଏସ୍ଏଡି ଅଧକ୍ଷ ହୋଇଥିଲେ। ସେବେଠାରୁ ସେ ଗତବର୍ଷ ଇସ୍ତଫା ଦେବା ପର୍ଯ୍ୟନ୍ତ ଦଳର ନେତୃତ୍ୱ ନେଇଆସୁଥିଲେ। ଇସ୍ତଫା ପରେ ତାଙ୍କୁ ଧର୍ମୀୟ ଦଣ୍ଡବିଧାନ କରାଯାଇଥିଲା।

### ହିନ୍ଦୁଫୋବିଆ ବିରୋଧରେ ବିଲ୍ ଆଣିଲା ଜର୍ଜିଆ

ୱାଶିଂଟନ,୧୨।୪

ଆମେରିକାର ପ୍ରଥମ ରାଜ୍ୟ ଭାବେ ଜର୍ଜିଆ ହିନ୍ଦୁଫୋବିଆ ବା ହିନ୍ଦୁବିରୋଧୀ ଭାବନା ବିରୋଧରେ ବିଲ୍ ଆଣିଛି। ଯଦି ଏହା ଆଇନରେ ପରିଣତ ହୁଏ ତେବେ ହିନ୍ଦୁଫୋବିଆ ସଂଜ୍ଞା ସ୍ପଷ୍ଟ କରିବା ପାଇଁ ଜର୍ଜିଆ ଦଣ୍ଡ ସଂହିତାରେ ସଂଶୋଧନ ହେବ। ଆମେରିକାରେ ହିନ୍ଦୁ ବିରୋଧୀ ଘୃଣା ଅପରାଧରେ ସମ୍ପୃକ୍ତ ଲୋକଙ୍କ ବିରୋଧରେ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ନେବାକୁ ଆଇନ ପ୍ରବର୍ତ୍ତନକାରୀ ସଂସ୍ଥାଗୁଡ଼ିକୁ ନିର୍ଦ୍ଦେଶ ରହିବ। ବିଲ୍‌କୁ ରିପବ୍ଲିକାନ୍ ସିନେଟର ଶାନ୍ ଷ୍ଟିଲ୍ ଏବଂ କ୍ଲିଣ୍ଟ ଡିକ୍ସନ ତଥା ଡେମୋକ୍ରାଟ ସିନେଟର ଜାସନ ଇଷ୍ଟେଭ୍ସ ଏବଂ ଏମାନୁଏଲ୍ ଡି. ଜନ୍ସ ମିଳିତ ଭାବେ ସମର୍ଥନ ଜଣାଇଛନ୍ତି।

### ନୌସେନା ବିସ୍ତାର ପାଇଁ ୧୦୦ ବିଲିୟନ୍ ଡଲାର ମଞ୍ଜୁର କଲେ ପୁଟିନ

ମସ୍କୋ,୧୨।୪

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମଧ୍ୟସ୍ଥତାରେ ୟୁକ୍ରେନ୍ ଯୁଦ୍ଧ ବନ୍ଦ ପାଇଁ ଉଦ୍ୟମ ଚାଲିଥିବାବେଳେ ରୁଷିଆ ରାଷ୍ଟ୍ରପତି ଭ୍ଲାଡିମିର ପୁଟିନ୍ ଏଦିଗରେ ଆଗଉଥିବା ଭଳି ମନେହେଉ ନାହିଁ। ପୁଟିନ୍ ରୁଷୀୟ ନୌସେନାର ବିସ୍ତାର ପାଇଁ ଏକ ବୃହତ୍ ଯୋଜନା ଆରମ୍ଭ କରିଛନ୍ତି। ନୌସେନାର ଆଧୁନିକୀକରଣ ଲାଗି ସେ ୧୦୦ ବିଲିୟନ୍ ଡଲାର (୮.୪ ଟ୍ରିଲିୟନ୍ ରୁବଲ୍) ନିବେଶକୁ ମଞ୍ଜୁରୀ ଦେଇଛନ୍ତି। ସେଣ୍ଟ ପିଟର୍ସବର୍ଗରେ ସାମରିକ ବଳକୁ ସମ୍ବୋଧିତ କରି ପୁଟିନ୍ କହିଛନ୍ତି, ଅତ୍ୟାଧୁନିକ ଯୁଦ୍ଧବିମାନଠାରୁ ନେଇ ପରବର୍ତ୍ତୀ ପିଢ଼ିର ଏୟାରକ୍ରାଫ୍ଟ ପର୍ଯ୍ୟନ୍ତ ରୁଷୀୟ ନୌଶକ୍ତିର ସବୁ କ୍ଷେତ୍ରରେ ଆଧୁନିକୀକରଣ କରାଯିବ। ପୁଟିନ୍‌ଙ୍କ ଏହି ପଦକ୍ଷେପ କେବଳ ୟୁକ୍ରେନ୍ ନୁହେଁ, କିଭ୍‌କୁ ସାମରିକ ସହାୟତା ଦେଉଥିବା ପାଶ୍ଚାତ୍ୟ ଶକ୍ତି ପାଇଁ ମଧ୍ୟ ଚିନ୍ତାର କାରଣ ହୋଇଛି।

## ଅଖ୍‌ନୁରରେ ଜେସିଓ ମୃତ

**ଆତଙ୍କବାଦୀଙ୍କ ମୃତ୍ୟୁସଂଖ୍ୟା ୩**

ଶ୍ରୀନଗର, ୧୨।୪

ଜମ୍ମୁ-କଶ୍ମୀରର ରାଜୌରୀ ଜିଲା ଅଖ୍‌ନୁର ସେକ୍ଟରସ୍ଥିତ ନିୟନ୍ତ୍ରଣ ରେଖା(ଏଲ୍‌ଓସି)ରେ ପାକିସ୍ତାନୀ ଆତଙ୍କବାଦୀଙ୍କ ଅନୁପ୍ରବେଶ ଉଦ୍ୟମକୁ ଭାରତୀୟ ସେନା ପଣ୍ଡ କରିଛି। ଆତଙ୍କବାଦୀ ଓ ଭାରତୀୟ ସେନା ମଧ୍ୟରେ ଗୁଳି ବିନିମୟରେ ଜୁନିୟର କମିଶନଡ୍ ଅଫିସର(ଜେସିଓ) କୁଲ୍‌ଦୀପ ଚାନ୍ଦ୍‌ଙ୍କର ମୃତ୍ୟୁ ଘଟିଛି। ଏଲ୍‌ଓସିର କେରି ବଟ୍ଟଲ ଅଞ୍ଚଳରେ ଆତଙ୍କବାଦୀମାନେ ଅନୁପ୍ରବେଶ କରିବାକୁ ଉଦ୍ୟମ କରିଥିଲେ। ଯବାନଙ୍କ ଗୁଳିରେ ଆତଙ୍କବାଦୀଙ୍କ ମୃତ୍ୟୁସଂଖ୍ୟା ଶନିବାର ୩ରେ ପହଞ୍ଚିଛି। ଉକ୍ତ ଅଞ୍ଚଳରେ ସର୍ଚ୍ଚ ଅପରେଶନ ଜାରି ରହିଛି। ସେନାର ହ୍ୱାଇଟ ନାଇଟ କୋର୍ ପକ୍ଷରୁ କୁଲ୍‌ଦୀପଙ୍କୁ ଶ୍ରଦ୍ଧାଞ୍ଜଳି ଦିଆଯାଇଛି। କୁଲ୍‌ଦୀପ ସେନାର ୯ମ ପଞ୍ଜାବ ରେଜିମେଣ୍ଟର ସଦସ୍ୟ ଥିଲେ। କିସ୍ତୱାର ଜିଲାରେ ୪ ଦିନ ଧରି ସୁରକ୍ଷା ବଳ ପକ୍ଷରୁ ଆତଙ୍କବାଦୀ ନିରୋଧୀ ଅପରେଶନ ଜାରି ରହିଛି। ଶନିବାର ୨ ଜଣ ଆତଙ୍କବାଦୀ ନିହତ ହୋଇଛନ୍ତି। ସେମାନଙ୍କ ମଧ୍ୟରେ ପାକିସ୍ତାନୀ ସମର୍ଥିତ ଆତଙ୍କବାଦୀ ସଙ୍ଗଠନ ଜୈଶ-ଇ-ମହମ୍ମଦ (ଜେଇଏମ୍)ର ଆତଙ୍କବାଦୀ ସୈଫୁଲ୍ଲାହ ରହିଥିବା ସୁରକ୍ଷା ବଳ କହିଛି। ଶୁକ୍ରବାର ସୁରକ୍ଷା ବଳର ଅପରେଶନରେ ଜଣେ ଆତଙ୍କବାଦୀ ନିହତ ହୋଇଥିଲେ।


ଜେସିଓ କୁଲ୍‌ଦୀପ ଚାନ୍ଦ୍

## ଆମେରିକା-ଇରାନ୍ ଆଣବିକ ଆଲୋଚନା

**ସକାରାତ୍ମକ ହୋଇଥିବା କହିଲା ହ୍ୱାଇଟ୍‌ହାଉସ୍**

ମସ୍କାଟ,୧୨।୪

ତେହେରାନ୍‌ର ଆଣବିକ କାର୍ଯ୍ୟକ୍ରମ ଉପରେ ଇରାନ୍ ଓ ଆମେରିକା ମଧ୍ୟରେ ପ୍ରଥମ ପର୍ଯ୍ୟାୟ ଆଲୋଚନା ହୋଇଛି। ଆସନ୍ତା ସପ୍ତାହରେ ଅଧିକ ଆଲୋଚନା ହେବ ବୋଲି ଶନିବାର ଇରାନୀୟ ସରକାରୀ ଟିଭି ଚ୍ୟାନେଲରେ ସୂଚନା ଦିଆଯାଇଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଦ୍ୱିତୀୟ ଥର କ୍ଷମତାକୁ ଫେରିବା ପରେ ଦୁଇଦେଶର ପ୍ରତିନିଧିଙ୍କ ମଧ୍ୟରେ ଏହା ହେଉଛି ପ୍ରଥମ ସାମ୍ନାସାମ୍ନି ବୈଠକ। ଏଥିରେ ଆମେରିକାର ମଧ୍ୟପ୍ରାଚ୍ୟ କୂଟନୀତିଜ୍ଞ ଷ୍ଟିଭ୍ ୱିଟ୍‌କୋଫ୍ ଏବଂ ଇରାନ୍ ବହିର୍ବ୍ୟାପାର ମନ୍ତ୍ରୀ ଅବ୍ବାସ ଅରାଘଚି ସାମିଲ ଥିଲେ। ହ୍ୱାଇଟ୍ ହାଉସ୍ ଏହାକୁ ଅତ୍ୟନ୍ତ ସକାରାତ୍ମକ ଓ ଗଠନମୂଳକ ଆଲୋଚନା ବୋଲି କହିଛି। ମଧ୍ୟପ୍ରାଚ୍ୟରେ ଯୁଦ୍ଧ ଘନଘଟା ଯୋଗୁ ଦୀର୍ଘ ୧୮ ମାସ ଧରି ଲାଗିରହିଥିବା ଅସ୍ଥିରତା ଓ ଅନିଶ୍ଚିତତା ଭିତରେ ଇରାନ୍‌କୁ ସାମରିକ, ଅର୍ଥନୈତିକ ସ୍ତରରେ କ୍ଷତି ସହିବାକୁ ପଡ଼ିଥିବାବେଳେ ସମାଧାନ ପାଇଁ ଅନ୍ତର୍ଜାତୀୟ ଚାପ ମଧ୍ୟ ପଡ଼ିଛି। ଏଭଳି ସ୍ଥିତିରେ ଓମାନ୍‌ରେ ଆମେରିକା-ଇରାନ୍ ମଧ୍ୟରେ ହେବାକୁ ଥିବା ପରବର୍ତ୍ତୀ ପର୍ଯ୍ୟାୟ କୂଟନୈତିକ ଆଲୋଚନାକୁ ତାତ୍ପର୍ଯ୍ୟପୂର୍ଣ୍ଣ ମନେକରାଯାଉଛି। ଏହା ପୂର୍ବରୁ ଟ୍ରମ୍ପ ଚେତାବନୀ ଦେଇଛନ୍ତି, ପରମାଣୁ ଆଲୋଚନାରୁ ସୁଫଳ ନ ମିଳିଲେ ଇରାନ୍‌କୁ ବିପଜ୍ଜନକ ପରିଣତି ଭୋଗିବାକୁ ପଡ଼ିବ।

## କଥକ ନୃତ୍ୟଶିଳ୍ପୀ କୁମୁଦିନୀ ଲାଖିଆଙ୍କ ପରଲୋକ

ନୂଆଦିଲ୍ଲୀ,୧୨।୪

ଜଣାଶୁଣା କଥକ ନୃତ୍ୟଶିଳ୍ପୀ ତଥା କୋରିଓଗ୍ରାଫର୍ କୁମୁଦିନୀ ଲାଖିଆ(୯୫)ଙ୍କ ଶନିବାର ପୂର୍ବାହ୍ନ ୧୧ଟାରେ ପରଲୋକ ହୋଇଛି। ୩ ମାସ ହେଲା ସେ ବୟସାଧିକଜନିତ ରୋଗରେ ପୀଡ଼ିତ ଥିଲେ ବୋଲି 'ଦେଶ ଗୁଜରାଟ' ପକ୍ଷରୁ ସୂଚନା ଦିଆଯାଇଛି। ୧୯୩୦ ମେ' ୧୭ରେ ଜନ୍ମିତ କୁମୁଦିନୀ ଗୁଜରାଟର ଅହମଦାବାଦରେ ଝିଅ ମୈତ୍ରେୟୀ ହଟ୍ଟାଙ୍ଗଡ଼ିଙ୍କ ସହ ରହୁଥିଲେ। ତାଙ୍କ ପୁଅ ଅଷ୍ଟ୍ରେଲିଆରେ ରୁହନ୍ତି। କୁମୁଦିନୀ ୧୯୬୪ରେ କଦମ୍ବ ସେଣ୍ଟର ଫର୍ ଡ୍ୟାନ୍ସ ଆଣ୍ଡ ମ୍ୟୁଜିକ୍ ପ୍ରତିଷ୍ଠା କରିଥିଲେ। ତାଙ୍କଠାରୁ ନୃତ୍ୟ ଶିକ୍ଷାଲାଭ କରିଥିବା ଅନେକ ଶିଳ୍ପୀ ଦେଶବିଦେଶରେ ସୁନାମ ଅର୍ଜନ କରିଛନ୍ତି। କଥକ ନୃତ୍ୟ ପ୍ରତି କୁମୁଦିନୀଙ୍କ ଅତୁଳନୀୟ ଅବଦାନ ଯୋଗୁ ତାଙ୍କୁ ୧୯୮୭ରେ ପଦ୍ମଶ୍ରୀ, ୨୦୧୦ରେ ପଦ୍ମଭୂଷଣ ଓ ୨୦୨୫ ସାଧାରଣତନ୍ତ୍ର ଦିବସରେ ପଦ୍ମବିଭୂଷଣ ଉପାଧି ପ୍ରଦାନ କରାଯାଇଥିଲା। ତାଙ୍କ ପରଲୋକରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଓ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଶୋକବ୍ୟକ୍ତ କରିଛନ୍ତି। କଳା କ୍ଷେତ୍ର ପ୍ରତି ତାଙ୍କ ଅବଦାନ ଚିର ସ୍ମରଣୀୟ ହୋଇ ରହିବ ବୋଲି ରାଷ୍ଟ୍ରପତି ଲେଖିଛନ୍ତି।



## ଆମେରିକା ଟାରିଫ୍‌ରୁ କମ୍ପ୍ୟୁଟର, ସ୍ମାର୍ଟଫୋନ୍ ବାଦ୍

ୱାଶିଂଟନ,୧୨।୪

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପୁଣିଥରେ ଅଟକିଛନ୍ତି। ଲାପ୍‌ଟପ୍, କମ୍ପ୍ୟୁଟର, ସ୍ମାର୍ଟଫୋନ୍ ଆଦି ଇଲେକ୍ଟ୍ରୋନିକ୍ ସାମଗ୍ରୀ ଆମଦାନୀ ଉପରୁ ଟ୍ରମ୍ପ ପ୍ରଶାସନର ରେସିପ୍ରୋକାଲ ଟାରିଫ୍ ହଟାଇ ଦିଆଯାଇଛି। ଏପରିକି ଚାଇନା ସେମିକଣ୍ଡକ୍ଟର ମଧ୍ୟ ଟାରିଫ୍‌ରୁ ବାଦ୍ ପଡ଼ିଛି। ଅର୍ଥାତ୍ ଚାଇନାରୁ ଆମଦାନୀ ସାମଗ୍ରୀ ଉପରେ ଲାଗୁ ହେବାକୁ ଥିବା ୧୪୫ ପ୍ରତିଶତ ଟାରିଫ୍ ସେମିକଣ୍ଡକ୍ଟର ଓ ଅନ୍ୟାନ୍ୟ ଇଲେକ୍ଟ୍ରୋନିକ୍ ସାମଗ୍ରୀ କ୍ଷେତ୍ରରେ ଲାଗୁ ହେବ ନାହିଁ। ସେହିପରି ଅନ୍ୟ ଦେଶର ସାମଗ୍ରୀ ଉପରେ ଲାଗୁ ହୋଇଥିବା ୧୦ ପ୍ରତିଶତ ବେସ୍‌ଲାଇନ୍ ଟାରିଫ୍‌ରୁ ଇଲେକ୍ଟ୍ରୋନିକ୍ ସାମଗ୍ରୀ ବାଦ୍ ପଡ଼ିଛି। ଫଳରେ ଲୋକପ୍ରିୟ ହାଇଟେକ୍ ଉତ୍ପାଦଗୁଡ଼ିକ ପାଇଁ ଆମେରିକୀୟ ଉପଭୋକ୍ତାଙ୍କୁ ଅଧିକ ଖର୍ଚ୍ଚାନ୍ତ ହେବାକୁ ପଡ଼ିବ ନାହିଁ। ଆମେରିକା କଷ୍ଟମ୍ସ ଆଣ୍ଡ ବର୍ଡର ପ୍ରୋଟେକ୍ସନ ଅଫିସ୍ ପକ୍ଷରୁ ଶୁକ୍ରବାର ବିଳମ୍ବିତ ରାତିରେ ପ୍ରକାଶିତ ନୋଟିସ୍‌ରୁ ଏହା ଜଣାପଡ଼ିଛି। ଏହାଦ୍ୱାରା ଆପଲ୍, ସାମସଙ୍ଗ ଭଳି ବୃହତ୍ ଟେକ୍ କମ୍ପାନୀ ଏବଂ ନିବିଦା ଭଳି ଚିପ୍ ନିର୍ମାତା ଲାଭବାନ୍ ହେବେ।



## ଦିଲ୍ଲୀରେ ୪୫୦ ବିମାନ ଉଡ଼ାଣ ବିଳମ୍ବ

ନୂଆଦିଲ୍ଲୀ, ୧୨।୪ (ପି.ଟି.)

ଦିଲ୍ଲୀ ଏୟାରପୋର୍ଟରେ ଶନିବାର ପ୍ରବଳ ଭିଡ଼ ଯୋଗୁ ବିମାନ ଚଳାଚଳ ପ୍ରଭାବିତ ହୋଇଛି। ୪୫୦ରୁ ଅଧିକ ବିମାନ ଉଡ଼ାଣ ବିଳମ୍ବ ଘଟିଥିବା ବେଳେ କିଛି ଉଡ଼ାଣକୁ ବାତିଲ ମଧ୍ୟ କରାଯାଇଛି। ଫଳରେ ଯାତ୍ରୀମାନଙ୍କୁ ଅନେକ ଘଣ୍ଟା ଧରି ଏୟାରପୋର୍ଟରେ ଅପେକ୍ଷା କରିବାକୁ ପଡ଼ିଥିଲା। ଶୁକ୍ରବାର ସନ୍ଧ୍ୟାରେ ଦିଲ୍ଲୀରେ ଘୂର୍ଣ୍ଣିଝଡ଼ ଯୋଗୁ ଇନ୍ଦିରା ଗାନ୍ଧୀ ଅନ୍ତର୍ଜାତୀୟ ବିମାନବନ୍ଦରରେ ବିମାନ ଉଡ଼ାଣ ପ୍ରଭାବିତ ହୋଇଥିଲା, ଯାହା ଶନିବାର ମଧ୍ୟ ଜାରି ରହିଛି।

## ଫୁରସତ୍

## ତ୍ୟାଗର ଅମର ପ୍ରତୀକ

**ଜାଲିଆନାୱାଲାବାଗ ହତ୍ୟାକାଣ୍ଡ ଦିବସ**

**ଆଜି** ଅପ୍ରେଲ ୧୩, ଜାଲିଆନାୱାଲାବାଗ ହତ୍ୟାକାଣ୍ଡର ୧୦୬ତମ ବାର୍ଷିକୀ। ୧୯୧୯ ମସିହାର ଏହି ଦିନ ଭାରତୀୟ ଇତିହାସରେ ଏକ କଳଙ୍କିତ ଅଧ୍ୟାୟ ଭାବେ ଯୋଡ଼ି ହୋଇଥିଲା। ପଞ୍ଜାବର ଅମୃତସରସ୍ଥିତ ଜାଲିଆନୱାଲା ବାଗରେ ବ୍ରିଟିଶ ସେନାନୀର ଜେନେରାଲ ରେଜିନାଲ୍ଡ ଡାୟାରଙ୍କ ନିର୍ଦ୍ଦେଶରେ ନିରସ୍ତ୍ର ଭାରତୀୟଙ୍କ ଉପରେ ନିର୍ଦ୍ଦୟ ଗୁଳିଚାଳନା ହୋଇଥିଲା। ବୈଶାଖୀ ଉତ୍ସବ ଉପଲକ୍ଷେ ଏକତ୍ରୀତ ମହିଳା, ପୁରୁଷ ଓ ଶିଶୁଙ୍କ ମଧ୍ୟରୁ ଶତାଧିକ ପ୍ରାଣ ହରାଇଥିଲେ ଏବଂ ସହସ୍ରାଧିକ ଆହତ ହୋଇଥିଲେ।



ଏହି ଗୁଳିଚାଳନା ବ୍ରିଟିଶ ଶାସନର ନିଷ୍ଠୁରତାର ପ୍ରମାଣ ଦେଇଥିଲା।

ଏହି ଘଟଣା ସେତେବେଳେ ଭାରତୀୟଙ୍କ ମଧ୍ୟରେ ବ୍ରିଟିଶ ଶାସନ ବିରୋଧରେ ତୀବ୍ର ଆକ୍ରୋଶ ସୃଷ୍ଟି କରିଥିଲା। ମହାତ୍ମା ଗାନ୍ଧୀ, ରବୀନ୍ଦ୍ରନାଥ ଟାଗୋର ପ୍ରମୁଖ ମହାନ ନେତାମାନେ ଏହାର ତୀବ୍ର ନିନ୍ଦା କରିଥିଲେ। ଏଥିରେ ମର୍ମାହତ ହୋଇ ରବୀନ୍ଦ୍ରନାଥ ତାଙ୍କର 'ନାଇଟ୍‌ହୁଡ' ଉପାଧି ତ୍ୟାଗ କରିଥିଲେ। ଏହି ହତ୍ୟାକାଣ୍ଡ ସ୍ୱାଧୀନତା ଆନ୍ଦୋଳନକୁ ନୂଆ ଦିଗ ଦେଖାଇଥିଲା ଏବଂ ଅସହଯୋଗ ଆନ୍ଦୋଳନର ମୂଳଦୁଆ ପକାଇଥିଲା।

ଆଜି ଏହି ଦିନରେ ଦେଶର ବିଭିନ୍ନ ପ୍ରାନ୍ତରେ ସ୍ମରଣ ସଭା, ସାଂସ୍କୃତିକ କାର୍ଯ୍ୟକ୍ରମ ଓ ଆଲୋଚନା ଚକ୍ରମାନ କରାଯାଇଥାଏ। ଏହି ଦିନ ଆମକୁ ସ୍ୱାଧୀନତାର ମୂଲ୍ୟ, ଏକତାର ମହତ୍ତ୍ୱ ଓ ଶାନ୍ତିପୂର୍ଣ୍ଣ ସଂଗ୍ରାମର ଗୁରୁତ୍ୱ ମନେ ପକାଇ ଦିଏ। ଜାଲିଆନାୱାଲାବାଗ କେବଳ ଏକ ସ୍ଥାନ ନୁହେଁ, ଏହା ଭାରତୀୟଙ୍କ ସଂକଳ୍ପ ଓ ତ୍ୟାଗର ଅମର ପ୍ରତୀକ।

## ଗୌରବ ଖାନ୍ନା ସେଲିବ୍ରିଟି ମାଷ୍ଟରଶେଫ୍

ମୁମ୍ବାଇ

ଛୋଟ ପରଦାର ଲୋକପ୍ରିୟ ଅଭିନେତା ଗୌରବ ଖାନ୍ନା 'ସେଲିବ୍ରିଟି ମାଷ୍ଟରଶେଫ୍' ପ୍ରଥମ ସିଜନର ଟାଇଟଲ ହାସଲ କରିଛନ୍ତି। ଶୁକ୍ରବାର ରାତିରେ ଆୟୋଜିତ ଗ୍ରାଣ୍ଡ ଫିନାଲେ କାର୍ଯ୍ୟକ୍ରମରେ ତାଙ୍କୁ ଶୋ'ର ଟାଇଟଲ ସହ ୨୦ ଲକ୍ଷ ଟଙ୍କାର ପୁରସ୍କାର ରାଶି ମିଳିଛି। ଅଭିନେତ୍ରୀ ନିକ୍କି ତମ୍ବୋଲିଙ୍କୁ ଗ୍ରାଣ୍ଡ ଫିନାଲେରେ ରନର ଅପ୍ ଘୋଷଣା କରାଯାଇଥିଲା। ପୂରା ସିଜନରେ ଗୌରବ ବିଭିନ୍ନ ପ୍ରକାରର ଡିଶ୍ ପ୍ରସ୍ତୁତ କରି ଶୋ'ର ବିଚାରକମଣ୍ଡଳୀକୁ ପ୍ରଭାବିତ କରିଥିଲେ। ଗ୍ରାଣ୍ଡ ଫିନାଲେ ସେରିମୋନିରେ ଗୌରବଙ୍କ ସିଗ୍ନେଚର ଡିଶ୍ ପ୍ରେଜେଣ୍ଟେଶନ ବିଚାରକମାନଙ୍କ ହୃଦୟ ଜିତିପାରିଥିଲା। ଗୌରବ ଜଣେ ଲୋକପ୍ରିୟ ଟିଭି ଅଭିନେତା ହୋଇଥିବାବେଳେ ପୂରା ସିଜନରେ ରୋଷେଇ ଘରେ ଖାଦ୍ୟ ରାନ୍ଧିବାର ତାଙ୍କ ପ୍ରତିଭା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଥିଲା। ସେଲିବ୍ରିଟି ମାଷ୍ଟରଶେଫ୍‌ର ସିଜନ-୧ ଗତ ଜାନୁଆରୀ ୨୭ରୁ ଆରମ୍ଭ ହୋଇଥିଲା। ଏହି ଶୋ'ରେ ସେଲିବ୍ରିଟି ଶେଫ୍ ରଣବୀର ସିଂ ବ୍ରାର୍ ଏବଂ ବିକାଶ ଖାନ୍ନା ବିଚାରପତି ଭାବେ ଦାୟିତ୍ୱ ନିର୍ବାହ କରିଥିବାବେଳେ ଫିଲ୍ମ ନିର୍ଦ୍ଦେଶିକା ଫରାହ ଖାନ୍ ଏହି ଶୋ'କୁ ହୋଷ୍ଟ କରିଥିଲେ। ପ୍ରସିଦ୍ଧ ମାଷ୍ଟରଶେଫ୍ ସଞ୍ଜୀବ କପୁର ଶୋ'ର ଗ୍ରାଣ୍ଡ ଫିନାଲେରେ ସ୍ୱତନ୍ତ୍ର ବିଚାରକ ଭାବେ ଯୋଗଦେଇ ଗୌରବଙ୍କୁ ଏହି ଟ୍ରଫି ପ୍ରଦାନ କରିଥିଲେ।



# ସମୃଦ୍ଧ ଓଡ଼ିଶାକୁ ସାକାର କରିବ ଆୟୁଷ୍ମାନ ଭାରତ



**ଡ. ମୁକେଶ ମହାଲିଙ୍ଗ**
ମନ୍ତ୍ରୀ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ, ଇଲେକ୍ଟ୍ରୋନିକ୍ସ ଏବଂ ସୂଚନା ପ୍ରଯୁକ୍ତି ବିଦ୍ୟା, ସଂସଦୀୟ ବ୍ୟାପାର ବିଭାଗ, ଓଡ଼ିଶା ସରକାର

''ଆରୋଗ୍ୟମ୍ ପରମଂ ଭାଗ୍ୟଂ ସ୍ୱାସ୍ଥ୍ୟଂ ସର୍ବାର୍ଥସାଧନମ୍'' ଆମ ଶାସ୍ତ୍ର କୁହେ, ସୁସ୍ଥ ରହିବା ହେଉଛି ପରମ ସୌଭାଗ୍ୟ। ସୁସ୍ଥ ବ୍ୟକ୍ତି ଦ୍ୱାରା ସମସ୍ତ କାର୍ଯ୍ୟର ସିଦ୍ଧି ହୋଇଥାଏ। ସୁସ୍ଥ ମଣିଷରୁ ସମୃଦ୍ଧ ସମାଜର ପରିକଳ୍ପନା କରାଯାଇପାରିବ, ତେଣୁ ବିକଶିତ ରାଷ୍ଟ୍ର ହେବା ଅଭିମୁଖେ ଅଗ୍ରସର ହେଉଥିବା ଆମ ଦେଶର ଜନସାଧାରଣଙ୍କ ଉତ୍ତମ ସ୍ୱାସ୍ଥ୍ୟର ଆବଶ୍ୟକତାକୁ ଅନୁଭବକରି ସ୍ୱାଧୀନତାର ଅମୃତ କାଳଖଣ୍ଡରେ ୨୦୪୭ ସୁଦ୍ଧା ବିଶ୍ୱ ଦରବାର ଆଗରେ ବିକଶିତ ଭାରତର ଲକ୍ଷ୍ୟ ନେଇ କାର୍ଯ୍ୟ କରୁଥିବା ଭାରତର ଯଶସ୍ୱୀ ପ୍ରଧାନମନ୍ତ୍ରୀ, ଅଦ୍ୱିତୀୟ ଜନନାୟକ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱରେ ଦୂରଦୃଷ୍ଟିସମ୍ପନ୍ନ ଆୟୁଷ୍ମାନ ଭାରତ ଜନ ଆରୋଗ୍ୟ ଯୋଜନା କାର୍ଯ୍ୟକାରୀ କରାଯାଇଛି। ଅପାର ସମ୍ଭାବନାଯୁକ୍ତ ଆମ ଓଡ଼ିଶାରେ ଇତିମଧ୍ୟରେ ଏକ ସକାରାତ୍ମକ ପରିବର୍ତ୍ତନ ହେବାପରେ ରାଜ୍ୟ ପ୍ରତିଷ୍ଠାର ଶତାବ୍ଦୀ ବର୍ଷ ୨୦୩୬ ସୁଦ୍ଧା ସମୃଦ୍ଧ ରାଜ୍ୟ କରିବା ପାଇଁ ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନେତୃତ୍ୱାଧୀନ ସରକାର ସ୍ୱାସ୍ଥ୍ୟ ବ୍ୟବସ୍ଥାରେ ନୂଆମୋଡ଼ ଆଣିଛନ୍ତି। ଆମ ସଙ୍କଳ୍ପପତ୍ର ଅନୁସାରେ ସାଧାରଣ ଜନତାର ସଞ୍ଜୀବନୀ ସ୍ୱରୂପ ଆୟୁଷ୍ମାନ ଭାରତ ଜନ ଆରୋଗ୍ୟ ଯୋଜନା ସହ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଓ ଆୟୁଷ୍ମାନ ବୟୋ ବନ୍ଦନା ଯୋଜନା ରାଜ୍ୟରେ ଏକ ସାଙ୍ଗରେ ଲାଗୁହୋଇଛି। ସୁସ୍ଥ ଓଡ଼ିଶାରୁ ହିଁ ସମୃଦ୍ଧ ଓଡ଼ିଶାର କଳ୍ପନା ସମ୍ଭବ। ତେଣୁ ସମୃଦ୍ଧତାର ସ୍ୱପ୍ନ ଦେଖୁଥିବା ଓଡ଼ିଶା ପାଇଁ ସ୍ୱାସ୍ଥ୍ୟ କ୍ଷେତ୍ରରେ ଏହା ଏକ ଯୁଗାନ୍ତକାରୀ ପଦକ୍ଷେପ ହେବ। ଏହି ଯୋଜନା ମାଧ୍ୟମରେ ଆମ ସରକାର ପ୍ରତ୍ୟେକଟି ରାଜ୍ୟବାସୀଙ୍କ ସ୍ୱାସ୍ଥ୍ୟର ସୁରକ୍ଷା ପାଇଁ ପ୍ରତିଶ୍ରୁତିବଦ୍ଧ।

ଆୟୁଷ୍ମାନ ଭାରତ ଜନ ଆରୋଗ୍ୟ ଯୋଜନା ଓ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ମାଧ୍ୟମରେ ରାଜ୍ୟର ୧.୩ କୋଟି ପରିବାରର ସାଢ଼େ ୩ କୋଟିରୁ ଅଧିକ ଲୋକ ଉପକୃତ ହେବେ। ଦେଶସାରା ଯେଉଁଠି ଥିଲେ ମଧ୍ୟ ପ୍ରାୟ ୨୯ ହଜାର ହସ୍ପିଟାଲରେ ଏହାର ସୁବିଧା ମିଳିବ। ଓଡ଼ିଶାର ପ୍ରବାସୀ ଶ୍ରମିକମାନଙ୍କ ପାଇଁ ଦେଶର ସମସ୍ତ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଏହି ଯୋଜନା ମାଧ୍ୟମରେ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଛି। କ୍ୟାସ୍‌ଲେସ୍ ଚିକିତ୍ସା ସୁବିଧା ସହ ପରିବାର ପିଛା ମହିଳାଙ୍କ ପାଇଁ ୧୦ ଲକ୍ଷ ଓ ପୁରୁଷଙ୍କ ଲାଗି ୫ ଲକ୍ଷ ପର୍ଯ୍ୟନ୍ତ ଚିକିତ୍ସା ଖର୍ଚ୍ଚ ବହନ କରିବେ ଆମ ସରକାର। ବରିଷ୍ଠ ନାଗରିକମାନଙ୍କ ପାଇଁ ଚିନ୍ତାଶୀଳ ହୋଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଓ ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନେତୃତ୍ୱାଧୀନ ସରକାର ଆୟୁଷ୍ମାନ ବୟୋ ବନ୍ଦନା ଯୋଜନା କାର୍ଯ୍ୟକାରୀ କରିବା ପାଇଁ ବଡ଼ ନିଷ୍ପତ୍ତି ନେଇଛନ୍ତି।

୭୦ ବର୍ଷରୁ ଊର୍ଦ୍ଧ୍ୱ ବୟୋଜ୍ୟେଷ୍ଠ ବ୍ୟକ୍ତିବିଶେଷଙ୍କୁ ଏହି ଯୋଜନାରେ ପରିବାର ପିଛା ଅତିରିକ୍ତ ୫ ଲକ୍ଷ ଦେୟମୁକ୍ତ ସୁବିଧା ମିଳିବ। ଅବସରପ୍ରାପ୍ତ କର୍ମଚାରୀଙ୍କଠାରୁ ଆରମ୍ଭକରି ଆୟକରଦାତାଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ଏହି ଯୋଜନାରେ ସାମିଲ କରାଯିବ। ଆୟୁଷ୍ମାନ ବୟୋ ବନ୍ଦନା ଯୋଜନାରେ ୧୭,୩୨,୫୬୯ ପରିବାରର ୨୩,୧୨,୯୭୯ ଲୋକ ଲାଭବାନ୍ ହେବେ। ଜାତୀୟ ଖାଦ୍ୟ ସୁରକ୍ଷା ଆଇନ, ରାଜ୍ୟ ଖାଦ୍ୟ ସୁରକ୍ଷା ଆଇନ, ଅନ୍ତ୍ୟୋଦୟ ଯୋଜନା ଅନ୍ତର୍ଗତ ସମସ୍ତ ହିତାଧିକାରୀ, ନବୀନ କାର୍ଡ ମାଧ୍ୟମରେ ପୂର୍ବ ସରକାରଙ୍କ ଦ୍ୱାରା ପ୍ରତାରିତ ହୋଇଥିବା ସମସ୍ତ ଲୋକଙ୍କ ସହ ଆଉ ଅତିରିକ୍ତ ୬ଲକ୍ଷ ନୂଆ ହିତାଧିକାରୀଙ୍କୁ ଏଥିରେ ସାମିଲ କରାଯିବ। ଆର୍ଥିକ ସମସ୍ୟା ପାଇଁ ସାଧାରଣ ଜନତା ହସ୍ପିଟାଲରୁ ଫେରିଆସି ସ୍ୱାସ୍ଥ୍ୟ ସେବାରୁ ବଞ୍ଚିତ ହେବେ ନାହିଁ। ସ୍ୱାସ୍ଥ୍ୟ ସେବା ପାଇଁ ଅର୍ଥ ବାଧକ ହେବ ନାହିଁ, ସମାଜ ଶେଷ ସ୍ତରରେ ଥିବା ବ୍ୟକ୍ତି ପାଖରେ ଆୟୁଷ୍ମାନ ଭାରତ ଯୋଜନା ପହଞ୍ଚାଇବା ଲାଗି ଆମେ ବଦ୍ଧପରିକର।

ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା, ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଓ ଆୟୁଷ୍ମାନ ଭାରତ ବୟୋ ବନ୍ଦନା ଯୋଜନାର କାର୍ଡ ବଣ୍ଟନ କରିବା ପାଇଁ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ତରଫରୁ ଜନସେବା କେନ୍ଦ୍ର ଓ ୪୮,୦୦୦ ଆଶାକର୍ମୀଙ୍କୁ ଦାୟିତ୍ୱ ଦିଆଯାଇଛି। ଗୋଟିଏ ବ୍ୟକ୍ତି ଗୋଟିଏ କାର୍ଡ ଆଧାରରେ ଆଶାକର୍ମୀମାନେ ଘରକୁ ଘର ଯାଇ ଇ-କେୱାଇସି ମାଧ୍ୟମରେ କାର୍ଡ ବଣ୍ଟନ କରିବେ। ଏହା ସାରା ଦେଶର ଅନୁବନ୍ଧିତ ହସ୍ପିଟାଲ ପାଇଁ କାର୍ଯ୍ୟ କରିବ, ଯାହା ଦ୍ୱାରା ରାଜ୍ୟ ବାହାରେ ଥିବା ଲୋକଙ୍କ ଲାଗି ଚିକିତ୍ସା ସୁବିଧା ପାଇବାରେ ଅସୁବିଧା ହିଁ ନାହିଁ। କୌଣସି କାରଣବଶତଃ କାହା ପାଖରେ କାର୍ଡ ନ ଥିଲେ ନିଜର ଆଧାର କାର୍ଡ ଦେଖାଇ ସ୍ୱାସ୍ଥ୍ୟସେବା ପାଇପାରିବେ। ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଏକ ଏସ୍ଓପି ମଧ୍ୟ ଜାରି ହୋଇଛି। ଏହାକୁ ଆଧାରକରି ଅନୁବନ୍ଧିତ ହସ୍ପିଟାଲଗୁଡ଼ିକ ଚିକିତ୍ସା ପ୍ରଦାନ କରିବେ। ଏହି ଚିକିତ୍ସା ସୁବିଧା ପାଇଁ ପ୍ରସ୍ତୁତ ହୋଇଥିବା ନୂଆ ଆଇଟି ପ୍ଲାଟଫର୍ମରେ ଯଦି କିଛି ସମସ୍ୟା ଉପୁଜିଲା, ଏହାକୁ ବାହାନା କରି କୌଣସି ହିତାଧିକାରୀ ଯେପରି ଚିକିତ୍ସା ସୁବିଧାରୁ ବଞ୍ଚିତ ନ ହୁଅନ୍ତି ସେଥିପାଇଁ ଆମ ସରକାର ଗୁରୁତ୍ୱ ଦେଇଛନ୍ତି। ଏହା ସର୍ବ ଭାରତୀୟ ଆଇଟି ପ୍ଲାଟଫର୍ମରେ ମଧ୍ୟ ଅନ୍ତର୍ଭୁକ୍ତ ରହିଛି। ସମସ୍ତେ ନୂଆ ସ୍ୱାସ୍ଥ୍ୟ କାର୍ଡ ପାଇବା ପୂର୍ବରୁ ଯଦି କାହାର କୌଣସି ଅସୁବିଧା ହେଲା ଆଧାର କାର୍ଡ ମାଧ୍ୟମରେ ନିର୍ଦ୍ଧିଷ୍ଟରେ ଚିକିତ୍ସା ପାଇପାରିବେ। ଆଗାମୀ ତିନି ମାସ ମଧ୍ୟରେ ସମସ୍ତ ହିତାଧିକାରୀଙ୍କ ପାଖକୁ କାର୍ଡ ପହଞ୍ଚାଇବା ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନେତୃତ୍ୱରେ ଆମ ସରକାର ସଙ୍କଳ୍ପବଦ୍ଧ।

ଜନପ୍ରିୟ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଲୋକାଭିମୁଖୀ ନେତୃତ୍ୱରେ ଆର୍ଥିକ ଦୁର୍ବଳ ଥିବା ଲୋକଙ୍କୁ ଆର୍ଥିକ ନିରାପତ୍ତା ଏବଂ ଗୁଣାତ୍ମକ ସ୍ୱାସ୍ଥ୍ୟସେବାର ଲକ୍ଷ୍ୟକୁ ସରକାରଙ୍କ ଦ୍ୱାରା ୨୦୧୮ ମସିହା ସେପ୍ଟେମ୍ବର ମାସରେ ଆୟୁଷ୍ମାନ ଭାରତ ଜନ ଆରୋଗ୍ୟ ଯୋଜନାର ଶୁଭାରମ୍ଭ ହୋଇଥିଲା। ନିଜସ୍ୱ ଚିକିତ୍ସା ଖର୍ଚ୍ଚ ବହନ କରିବା ପାଇଁ ଗରିବ ଲୋକଙ୍କୁ ଯେପରି କୌଣସି ଅସୁବିଧା ନ ହେବ, ସେଥିପାଇଁ କେନ୍ଦ୍ର ସରକାର ଆୟୁଷ୍ମାନ ଯୋଜନା ଆରମ୍ଭ କରିଥିଲେ। କିନ୍ତୁ ବିଗତ ସରକାର ନିଜର ରାଜନୈତିକ ସ୍ୱାର୍ଥ ସାଧନ ପାଇଁ ରାଜ୍ୟରେ ଆୟୁଷ୍ମାନ ଯୋଜନା ଜାଣିଶୁଣି ଲାଗୁ କରି ନ ଥିଲେ। ତେବେ ଏହା ପଛରେ ତାଙ୍କର ମନ୍ଦ ଉଦ୍ଦେଶ୍ୟ ଥିଲା। କାଳେ ନିଜର ଭୋଟ ବ୍ୟାଙ୍କ କମିଯିବ ଓ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ ଲୋକେ ସବୁ ଶ୍ରେୟ ଦେଇଦେବେ, ସେଇ ଭୟ ଗତ ସରକାରଙ୍କୁ ଘାରିଥିଲା। ଆୟୁଷ୍ମାନ ଭାରତ ଯୋଜନା କାର୍ଯ୍ୟକାରୀ ନ ହେବା ଯୋଗୁ ଗତ ୫ ବର୍ଷରେ ରାଜ୍ୟ ୩ ହଜାର କୋଟି କ୍ଷତି ସହିବା ଘଟଣା ଜନସାଧାରଣଙ୍କ ସ୍ୱାସ୍ଥ୍ୟସେବା ପ୍ରତି ପୂର୍ବ ସରକାରଙ୍କ ହୀନ ମାନସିକତାର ପରିଚୟ। ତେବେ ରାଜ୍ୟରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଡବଲ ଇଞ୍ଜିନ ସରକାରର ମଙ୍ଗ ଧରିବା ପରେ ଧରାଶାୟୀ ହୋଇପଡ଼ିଥିବା ସ୍ୱାସ୍ଥ୍ୟାବସ୍ଥାର ବିକଳ ଚିତ୍ର ସଜାଡ଼ିବା ପାଇଁ ପ୍ରୟାସ ଆରମ୍ଭ ହୋଇଛି। ଗତ ସରକାର ଯାହା କରିପାରି ନ ଥିଲା ୧୦ ମାସରେ ଆମ ସରକାର ତାହା କରି ଦେଖେଇଛି।

କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ ଜଗତ ପ୍ରକାଶ ନଡ୍ଡାଙ୍କ କରକମଳରେ ଗତ ଏପ୍ରିଲ ୧୧ ତାରିଖରେ ରାଜ୍ୟର ୧୪୦୫ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ୧୫ ଲକ୍ଷରୁ ଊର୍ଦ୍ଧ୍ୱ ଜନସାଧାରଣ ସାମିଲ ହୋଇଥିଲେ। ଆୟୁଷ୍ମାନ ଭାରତ ଜନ ଆରୋଗ୍ୟ ଯୋଜନା ଶୁଭାରମ୍ଭ ହେବା ଫଳରେ ଓଡ଼ିଶାବାସୀଙ୍କ ପାଇଁ ଦେଶର ଯଶସ୍ୱୀ ପ୍ରଧାନମନ୍ତ୍ରୀଙ୍କ ସ୍ୱପ୍ନ ପୂରଣ ହୋଇଛି। ଆୟୁଷ୍ମାନ କାର୍ଡ ଅଧୀନରେ କ୍ୟାନସର, ହୃତ୍‌ପିଣ୍ଡ ପ୍ରତ୍ୟାରୋପଣ ପରି ଗୁରୁତର ରୋଗର ଚିକିତ୍ସା ପାଇଁ ଆର୍ଥିକ ସହାୟତା ପ୍ରଦାନ କରାଯାଉଛି, ଯାହା ଦ୍ୱାରା ରୋଗୀମାନେ ବିନା ଖର୍ଚ୍ଚରେ ଉନ୍ନତମାନର ଚିକିତ୍ସା ପାଇପାରିବେ। ଏହି କାର୍ଡ ମାଧ୍ୟମରେ ସରକାରୀ ଓ ଘରୋଇ ହସ୍ପିଟାଲରେ ଚିକିତ୍ସା କରାଯାଇପାରିବ। ଏହା ବ୍ୟତୀତ, ଔଷଧ, ଡାଇଗ୍ନୋଷ୍ଟିକ ଓ ଅନ୍ୟାନ୍ୟ ସେବା ମଧ୍ୟ ଏହି ଯୋଜନାରେ ଅନ୍ତର୍ଭୁକ୍ତ ହୋଇଥିବା ବେଳେ ଆୟୁଷ୍ମାନ ଭାରତ ଆୟୁଷ୍ମାନରୁ ଅଟେ। ପୂର୍ବ ଯୋଜନାରେ ଗୋଟିଏ ପରିବାରକୁ ଗୋଟିଏ କାର୍ଡ ମିଳୁଥିଲା କିନ୍ତୁ ଏବେ ଜଣେ ବ୍ୟକ୍ତି ଗୋଟିଏ କାର୍ଡ ପାଇବେ, ଯାହା ଫଳରେ ଗୋଟିଏ ପରିବାରର ଏକାଧିକ ବ୍ୟକ୍ତି ଦେଶର ବିଭିନ୍ନ ସ୍ଥାନରେ ଏକ ସାଙ୍ଗରେ ଚିକିତ୍ସା ସୁବିଧା ପାଇପାରିବେ। ପୂର୍ବ ସରକାରର ଯୋଜନା କେବଳ ରାଜ୍ୟ ଓ ରାଜ୍ୟ ବାହାରେ ହାତଗଣତି ସର୍ବମୋଟ ୯୦୦ ହସ୍ପିଟାଲରେ ସ୍ୱାସ୍ଥ୍ୟସେବା ମିଳୁଥିଲା ବେଳେ ଆୟୁଷ୍ମାନ ଭାରତ ଜନ ଆରୋଗ୍ୟ ଯୋଜନା, ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଓ ଆୟୁଷ୍ମାନ ବୟୋ ବନ୍ଦନା ଯୋଜନାରେ କଶ୍ମୀରରୁ କନ୍ୟାକୁମାରୀ ଦେଶର ସମସ୍ତ ସ୍ଥାନରେ ୨୯,୦୦୦ ହସ୍ପିଟାଲରେ ଚିକିତ୍ସା ସୁବିଧା ଉପଲବ୍ଧ ହେବ। ଆୟୁଷ୍ମାନ ଭାରତ ବିଶ୍ୱର ସର୍ବବୃହତ ସ୍ୱାସ୍ଥ୍ୟସେବା ଯୋଜନା ହୋଇଥିବାରୁ ରାଜ୍ୟବାସୀଙ୍କ ସ୍ୱାସ୍ଥ୍ୟସେବାରେ ଏହା ଏକ ଯୁଗାନ୍ତକାରୀ ପରିବର୍ତ୍ତନ ଆଣିବ। "ସର୍ବେ ଭବନ୍ତୁ ସୁଖିନଃ, ସର୍ବେସନ୍ତୁ ନିରାମୟା"କୁ ଆଧାରକରି ମାଲକାନଗିରିରୁ ମୟୂରଭଞ୍ଜ, କେନ୍ଦ୍ରାପଡ଼ାରୁ ନୂଆପଡ଼ା ସମସ୍ତ ରାଜ୍ୟବାସୀଙ୍କ ପାଇଁ ଏକ ନିର୍ଭରଯୋଗ୍ୟ ଗୁଣାତ୍ମକ ସ୍ୱାସ୍ଥ୍ୟ ସେବା ସୁନିଶ୍ଚିତ କରିବାକୁ ଆମେ ଉଦ୍ୟମରତ। ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା, ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଓ ଆୟୁଷ୍ମାନ ବୟୋ ବନ୍ଦନା ଯୋଜନା ମାଧ୍ୟମରେ ସମସ୍ତଙ୍କୁ ସୁସ୍ଥ ଓ ସୁଖଦ ଭବିଷ୍ୟତକୁ ସୁରକ୍ଷିତ କରିବା ପାଇଁ ବର୍ତ୍ତମାନ ବ୍ୟବସ୍ଥା ନିର୍ମାଣ ଚାଲିଛି। ସୁସ୍ଥତାରୁ ସମୃଦ୍ଧତା ଦୃଷ୍ଟିକୋଣକୁ ପାଥେୟକରି ସୁସ୍ଥ ଓଡ଼ିଶାରୁ ହିଁ ସମୃଦ୍ଧ ଓଡ଼ିଶା ଗଠନ ପରିକଳ୍ପନାର ସାକାର ହୋଇପାରିବ, ତେଣୁ ସମସ୍ତଙ୍କର ସୁଖୀ ଓ ରୋଗମୁକ୍ତ ଜୀବନ କାମନା ପାଇଁ ଆମ ସରକାର କାର୍ଯ୍ୟରତ।

# ମାଓବାଦୀ କାର୍ଯ୍ୟକଳାପ ରୋକିବାରେ ଆନ୍ତରିକତା ଦେଖାଉନାହାନ୍ତି ସରକାର: ବିଜେଡି

**ଭୁବନେଶ୍ୱର, ୧୨।୪(ସୁନିତ୍ ମିଶ୍ର)**

ଓଡ଼ିଶା ଏକ ସମୟରେ ସମ୍ପୂର୍ଣ୍ଣ ମାଓବାଦୀ ମୁକ୍ତ ରାଜ୍ୟଭାବେ ପରିଗଣିତ ହେଉଥିଲା। ହେଲେ ରାଜ୍ୟରେ ନୂତନ ସରକାର ଦାୟିତ୍ୱ ଗ୍ରହଣ କରିବା ପରେ ରାଜ୍ୟର ଅତିକମ୍‌ରେ ୩ ଜିଲାରେ ମାଓବାଦୀଙ୍କ ଗତିବିଧି ବଢୁଛି ବୋଲି ନଜରକୁ ଆସୁଛି। ହେଲେ ରାଜ୍ୟ ସରକାର ଏହାକୁ ରୋକିବା ପାଇଁ କୌଣସି ତତ୍ପରତା ଦେଖାଉନାହାନ୍ତି ବୋଲି ବିଜେଡି ଅଭିଯୋଗ କରିଛି।



ଶଙ୍ଖ ଭବନରେ ପୂର୍ବତନ ବିଧାୟକ ପ୍ରୀତିରଞ୍ଜନ ଘଡ଼ାଇ ସାମ୍ବାଦିକ ସମ୍ମିଳନୀ କରୁଛନ୍ତି।

ଶଙ୍ଖ ଭବନରେ ଶନିବାର ଆୟୋଜିତ ଖବରଦାତା ସମ୍ମିଳନୀରେ ପୂର୍ବତନ ବିଧାୟକ ପ୍ରୀତିରଞ୍ଜନ ଘଡ଼ାଇ କହିଛନ୍ତି, ରାଜ୍ୟର ୩ଟି ଜିଲା ଯଥା ଢେଙ୍କାନାଳ, ଯାଜପୁର ଓ କେନ୍ଦୁଝର ଜିଲାରେ ମାଓବାଦୀଙ୍କ ଗତିବିଧି ବୃଦ୍ଧିପାଇଛି। ମାଓବାଦୀମାନଙ୍କ ଦ୍ୱାରା ୩ ଜିଲାରେ ଅସ୍ତ୍ରଶସ୍ତ୍ର ଧରି ବୁଲିବା, ସ୍ଥାନୀୟ ଅଞ୍ଚଳରୁ ଲୋକଙ୍କୁ ନିଜ ଦଳରେ ସାମିଲ କରିବା ଓ ବଳପୂର୍ବକ ଅର୍ଥ ଆଦାୟ କରିବା ଇତ୍ୟାଦି ଆରମ୍ଭ ହୋଇଛି। ବିଧାନସଭାରେ ଏକ ପ୍ରଶ୍ନର ଉତ୍ତର ଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି, ରାଜ୍ୟରେ ପ୍ରାୟ ୧୨୦ ମାଓବାଦୀ ସକ୍ରିୟ ରହିଛନ୍ତି। ୨୦୨୬ ସୁଦ୍ଧା ରାଜ୍ୟ ସରକାର ମାଓବାଦୀ ମୁକ୍ତ ରାଜ୍ୟ କରିବାର ଲକ୍ଷ୍ୟ ରଖିଛନ୍ତି। ଏହି ପରିପ୍ରେକ୍ଷୀରେ, ରାଜ୍ୟର ଅନ୍ତରୀଣ ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟିହୋଇଛି। ରାଜ୍ୟର ଅନ୍ତରୀଣ ସୁରକ୍ଷା ବିପର୍ଯ୍ୟସ୍ତ ଆଡ଼କୁ ଯାଉଥିବା ବେଳେ ଓଡ଼ିଶା ପୋଲିସ ଓ ରାଜ୍ୟର ଗୃହ ବିଭାଗ କୌଣସି ପଦକ୍ଷେପ ନେବାରେ ବିଫଳ ହୋଇଛି। ମାଓବାଦୀଙ୍କ ଏହି କାର୍ଯ୍ୟକଳାପକୁ ଗୃହ ବିଭାଗ ପୂର୍ବାନୁମାନ କରିବା ଓ ତାକୁ ପ୍ରତିହତ କରିବା ପାଇଁ ଉପଯୁକ୍ତ ପଦକ୍ଷେପ ନେବା ଆବଶ୍ୟକ ଥିବାବେଳେ ଏଥିରେ ସରକାର ବିଫଳ ହୋଇଛନ୍ତି ବୋଲି ପ୍ରୀତି ରଞ୍ଜନ କହିଛନ୍ତି।

# ବିହନ ଉତ୍ପାଦନରେ ଓଡ଼ିଶା ପଛରେ: କିଷାନ କଂଗ୍ରେସ

**ଭୁବନେଶ୍ୱର, ୧୨।୪(ସୁନିତ୍ ମିଶ୍ର)**

ରାଜ୍ୟର ୨ଟି ସରକାରରେ ଦୀର୍ଘ ୨୫ ବର୍ଷ ମଧ୍ୟରେ ବିହନ ଉତ୍ପାଦନ କ୍ଷେତ୍ରରେ ଅନ୍ୟ ରାଜ୍ୟ ଭଳି ଓଡ଼ିଶା ସ୍ୱାବଲମ୍ବୀ ହୋଇପାରିଲାନାହିଁ। ବିହନ ଗ୍ରାମ ଯୋଜନାରେ ଏହି ଦିଗରେ ବହୁ କୋଟି ଟଙ୍କା ବ୍ୟୟ କରାଯାଉଥିବା ବେଳେ କ'ଣ ପାଇଁ ଓଡ଼ିଶା ବିହନ ଉତ୍ପାଦନରେ ପଛରେ ପଡ଼ିଛି ତାହାର ମଧ୍ୟ ସମୀକ୍ଷା କରାଯାଉନାହିଁ। ଖରିଫ୍ ହେଉ କି ରବି, ସମୟ ଆସିଲେ ସରକାରଙ୍କ କ୍ଷଣିକ ତତ୍ପରତା ପ୍ରକାଶ ପାଏ। କୃଷି ବିଭାଗର ମନ୍ତ୍ରୀଙ୍କଠାରୁ ଆରମ୍ଭକରି ପ୍ରଶାସନିକ ବଡ଼ ଅଧିକାରୀମାନେ ମାଳ ମାଳ କଥା ଘୋଷଣା କରନ୍ତି। କିନ୍ତୁ ବାସ୍ତବତା ସମ୍ପୂର୍ଣ୍ଣ ଭିନ୍ନ ବୋଲି ପ୍ରଦେଶ କିଷାନ କଂଗ୍ରେସ କମିଟି ପକ୍ଷରୁ ଅଭିଯୋଗ କରାଯାଇଛି।

ଫଳରେ ଚାଷୀ ଠିକଣା ସମୟରେ ବିହନ ପାଇବା ତ ଦୂରର କଥା ବହୁ ସମୟରେ ନକଲି ବିହନର ସମ୍ମୁଖୀନ ହୁଏ। ନିକଟରେ ମନ୍ତ୍ରୀ, ବିଭାଗୀୟ ଅଧିକାରୀ ଖରିଫ୍ ଚାଷ ପାଇଁ ବିହନ ଯୋଗାଣକୁ ସୁବିଧା କରିବା କଥା ଯାହା କହିଛନ୍ତି, ତାହା କେତେଦୂର କାର୍ଯ୍ୟକାରୀ ହେବ ଏହା ମଧ୍ୟ ପ୍ରଶ୍ନବାଚୀ। କାରଣ ବିଗତ ଦିନରେ ଆଳୁ ମିଶନ୍ ଫେଲ୍ ଠାରୁ ଗତ ରବିରେ ଆଳୁଚାଷ ପାଇଁ ଯେଉଁ ସର୍ବବୃହତ୍ ପ୍ରତିଶ୍ରୁତି ଦିଆଯାଇଥିଲା। ଏବେ ରାଜ୍ୟରେ କେତେ ଆଳୁ ଫଳିଛି ଏବଂ ସଂରକ୍ଷଣ ପାଇଁ କ'ଣ ବ୍ୟବସ୍ଥା କରାଯାଇଛି ଏହା ସମସ୍ତଙ୍କୁ ଢେର ଜଣାପଡ଼ିଲାଣି। କାଳ ବିଳମ୍ବ ନ କରି ସରକାର ଓ ପ୍ରଶାସନ ଆନ୍ତରିକତାର ସହିତ ସମସ୍ତ ଚାଷୀଙ୍କୁ ଆବଶ୍ୟକ ମୁତାବକ ଉପଯୁକ୍ତ ବିହନ ଠିକଣା ସମୟରେ ୯୦ ପ୍ରତିଶତ ରିହାତି ମୂଲ୍ୟରେ ଯୋଗାଇଦେବାକୁ ପ୍ରଦେଶ କିଷାନ କଂଗ୍ରେସ ତରଫରୁ ସରକାରଙ୍କ ନିକଟରେ ଦାବି କରାଯାଇଛି।

# ମହୁମାଛି ଆକ୍ରମଣରେ ୮ ଛାତ୍ରୀଛାତ୍ର ଗୁରୁତର

**ଚମ୍ପୁଆ, ୧୨।୪(ମହେଶ୍ୱର ଦାସ)**

କେନ୍ଦୁଝର ଜିଲା ଚମ୍ପୁଆ ବ୍ଲକ୍ କାଳିକାପ୍ରସାଦଠାରେ ଶନିବାର ମହୁମାଛି ଆକ୍ରମଣରେ ୮ ଛାତ୍ରୀଛାତ୍ର ଗୁରୁତର ହୋଇଛନ୍ତି। ସମସ୍ତେ ଚମ୍ପୁଆ ଡାକ୍ତରଖାନାରେ ଚିକିତ୍ସିତ ହେଉଛନ୍ତି। ସମସ୍ତଙ୍କ ବୟସ ୪ ରୁ ୯ ବର୍ଷ ମଧ୍ୟରେ ହୋଇଥିବା ଜଣାଯାଇଛି। କାଳିକାପ୍ରସାଦ ଶିଶୁ ମନ୍ଦିରର ୮ ଛାତ୍ରୀଛାତ୍ର ଅଟୋ ଯୋଗେ ବିଦ୍ୟାଳୟ ଯାଉଥିଲେ। କାଳିକାପ୍ରସାଦ ଜଙ୍ଗଲ ନିକଟରେ ମହୁମାଛି ଅତର୍କିତ ଭାବେ ଆକ୍ରମଣ କରିଥିଲେ।

# ଛଗଡମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)

**ଧପଡ଼କୁ ମାଣ୍ଡିଆ ଯାଉ**
**ବସିବା ଲୋକ ତବତ ଖାଉ।**

ଅଭାବ ଅନଟନରେ ଚଳୁଥିବା ବ୍ୟକ୍ତି କଠିନ ପରିଶ୍ରମ କରି ନିଜର ତଥା ନିଜ ପରିବାରର ଭରଣପୋଷଣ କରିବା ସହ ପେଟକୁ ଦି'ମୁଠେ ଦାନା ଯୋଗାଇଥାଏ। କିନ୍ତୁ ଅୟସରେ ରହୁଥିବା ବ୍ୟକ୍ତି ଖିରି ପୁରିରେ ଭାସିବା ସହ ମଉଜ ମଜଲିସରେ ଜୀବନ ଅତିବାହିତ କରୁଥିବାର ଦେଖିବାକୁ ମିଳିଥାଏ। ଏହାହିଁ ଏ ଯୁଗର ରୀତି ବୋଲି ଏଠାରେ ଉଲ୍ଲେଖ କରାଯାଇଛି।

**ଧକାନ୍ତି, ସକାନ୍ତି, ପକାନ୍ତି ଲୁହ**
**ପେଟ ଭିତରେ ଶଗଡ଼େ ଗୁହ।**

ଛଳନା କରୁଥିବା ବ୍ୟକ୍ତି ନିଜକୁ ଅତି ଭଲ ବା ସଚ୍ଚୋଟ ଦେଖାଇବା ପାଇଁ ଅନେକ ପ୍ରକାରର ଛଳ ବା କୌଶଳମାନ ଆପଣେଇ ନେଉଥିବାର ଲକ୍ଷ୍ୟ କରାଯାଇଥାଏ। ଧୂର୍ତ୍ତ ବା ମନ୍ଦ ପ୍ରକୃତି ଲୋକଙ୍କର ଏଭଳି ଚରିତ୍ର ହୋଇଥାଏ ବୋଲି ଏଠାରେ ପ୍ରକାଶ କରାଯାଇଛି।

ଓଡ଼ିଆ ଢଗଢମାଳି ଓ ରୁଢ଼ି ପ୍ରୟୋଗ-ଏ.କେ. ମିଶ୍ର ପବ୍ଲିଶର୍ସ ପ୍ରାଃଲିଃ




ଶନିବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗ ଚିତ୍ର।

**ପ୍ରଥମ ପୃଷ୍ଠାରୁ**

## ରାଜ୍ୟପାଳ ଅଲୋଡ଼ା...

ଆନିମଲ୍ ସାଇନ୍ସେସ୍ ୟୁନିଭର୍ସିଟି (ଆମେଣ୍ଡମେଣ୍ଟ) ଆକ୍ଟ ଏବଂ ତାମିଲନାଡୁ ୟୁନିଭର୍ସିଟିଜ୍ ଲଜ୍ (ସେକେଣ୍ଡ ଆମେଣ୍ଡମେଣ୍ଟ) ଆକ୍ଟ-୨୦୨୨। ନବପ୍ରଣୀତ ଆଇନ ବଳରେ ତାମିଲନାଡୁ ସରକାର ରାଜ୍ୟର ୧୮ ବିଶ୍ୱବିଦ୍ୟାଳୟରେ କୁଳପତି ନିଯୁକ୍ତ କରିପାରିବେ। ପୂର୍ବରୁ ବିଶ୍ୱବିଦ୍ୟାଳୟଗୁଡ଼ିକର କୁଳାଧିପତି ଥିବା ରାଜ୍ୟପାଳଙ୍କ ହାତରେ ଏହି ନିଯୁକ୍ତି କ୍ଷମତା ରହିଥିଲା। ଏହାକୁ ନେଇ ମୁଖ୍ୟମନ୍ତ୍ରୀ ଏମ୍.କେ. ଷ୍ଟାଲିନ୍ ଓ ରାଜ୍ୟପାଳ ରବି ମୁହାଁମୁହିଁ ହୋଇଥିଲେ। ତେବେ ଗତ ମଙ୍ଗଳବାର ସୁପ୍ରିମକୋର୍ଟ ରାଜ୍ୟପାଳ ରବିଙ୍କୁ ଭର୍ତ୍ସନା କରି ଏଗୁଡ଼ିକ ଆଇନରେ ପରିଣତ ହେବ ବୋଲି ସ୍ପଷ୍ଟ ରାୟ ଦେବା ପରେ ମୁଖ୍ୟମନ୍ତ୍ରୀ ଷ୍ଟାଲିନ୍ ଏହାକୁ ଏକ ଐତିହାସିକ ନିଷ୍ପତ୍ତି ଭାବେ ଅଭିହିତ କରିଥିଲେ। ଏହା କେବଳ ତାମିଲନାଡୁର ନୁହେଁ, ବରଂ ଭାରତର ସମସ୍ତ ରାଜ୍ୟ ସରକାରଙ୍କ ବିଜୟ ବୋଲି ଷ୍ଟାଲିନ୍ କହିଥିଲେ। ଏକ ବିଧେୟକ ବିଧାନସଭାରେ ଦ୍ୱିତୀୟ ଥର ପାଇଁ ପାରିତ ହେଲେ ରାଜ୍ୟପାଳ ତାକୁ ଅନୁମୋଦନ କରିବାକୁ ବାଧ୍ୟ ବୋଲି ସାମ୍ବିଧାନିକ ନିୟମ ରହିଥିବା ସତ୍ତ୍ୱେ ରାଜ୍ୟପାଳ ଜାଣିଶୁଣି ବିଳମ୍ବ କରିଚାଲିଥିଲେ ବୋଲି ଷ୍ଟାଲିନ୍ ସୋସିଆଲ ମିଡିଆ ପ୍ଲାଟ୍‌ଫର୍ମ ଏକ୍ସ'ରେ ସମାଲୋଚନା କରିଥିଲେ। ଶନିବାର ବିଜ୍ଞପ୍ତି ପ୍ରକାଶ ପାଇବା ପରେ ଡିଏମ୍‌କେର ରାଜ୍ୟ ସଭା ସଦସ୍ୟ ତଥା ସୁପ୍ରିମକୋର୍ଟରେ ରାଜ୍ୟ ସରକାରଙ୍କ ପକ୍ଷରୁ ମାମଲା ପରିଚାଳନା କରିଥିବା ଆଇନଜୀବୀ ପି. ୱିଲ୍‌ସନ କହିଛନ୍ତି, ଭାରତର ପ୍ରଥମ ଥର ପାଇଁ ରାଜ୍ୟପାଳ କିମ୍ବା ରାଷ୍ଟ୍ରପତିଙ୍କ ବିନା ସ୍ୱାକ୍ଷରରେ ଆଇନ ପରିଣତ ହୋଇ ଇତିହାସ ସୃଷ୍ଟି ହୋଇଛି। ସୁପ୍ରିମକୋର୍ଟଙ୍କ ରାୟ ବଳରେ ଏହା ସମ୍ଭବ ହୋଇଛି ବୋଲି ୱିଲ୍‌ସନ ଟୁଇଟ୍ କରିଛନ୍ତି।

ଡିଏମ୍‌କେ ସରକାର ପ୍ରଥମେ ୨୦୨୩ରେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇ ରାଜ୍ୟପାଳଙ୍କୁ ସମସ୍ତ ବିଧେୟକ ଉପରେ ସ୍ୱାକ୍ଷର କରିବା ସକାଶେ ନିର୍ଦ୍ଦେଶ ଦେବାକୁ ନିବେଦନ କରିଥିଲେ। ସେଥିରୁ ୨ଟି ବିଧେୟକ ପୂର୍ବର ଏଆଇଏଡିଏମ୍‌କେ ସରକାରଙ୍କ ଦ୍ୱାରା ପାରିତ ହୋଇଥିଲା। ରାଜ୍ୟପାଳ ସେହି ସମସ୍ତ ବିଲ୍‌କୁ ପକାଇ ରଖିଥିବା ଦେଖି ଷ୍ଟାଲିନ୍‌ଙ୍କ ଦଳ ସୁପ୍ରିମକୋର୍ଟରେ ଅଭିଯୋଗ ଆଣିଥିଲା ଯେ, ଭାଜପା ଦ୍ୱାରା ନିଯୁକ୍ତ ରାଜ୍ୟପାଳ ନିର୍ବାଚିତ ସରକାରଙ୍କୁ ନ୍ୟୂନ କରିବାକୁ ଯାଇ ରାଜ୍ୟର ବିକାଶ ଧାରାରେ ବାଧକ ସାଜିଛନ୍ତି। ଅନ୍ୟପକ୍ଷେ ସେତେବେଳେ ରାଜ୍ୟପାଳଙ୍କ ପକ୍ଷରୁ ପ୍ରତିନିଧିତ୍ୱ କରୁଥିବା ସଲିସିଟର ଜେନେରାଲ ତୁଷାର ମେହେଟ୍ଟା ଯୁକ୍ତି ବାଢ଼ିଥିଲେ, କୌଣସି ରାଜ୍ୟର ରାଜ୍ୟପାଳ 'କେବଳ ଜଣେ ଟେକ୍ନିକାଲ ସୁପରଭାଇଜର' ନୁହନ୍ତି। ବିଲ୍ ପାରିତ କରିବାରେ ରାଜ୍ୟପାଳଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ୨୦୨୩ ନଭେମ୍ବର ୧୦ରେ ଭାରତର ତତ୍କାଳୀନ ପ୍ରଧାନ ବିଚାରପତି (ସିଜେଆଇ) ଡି.ୱାଇ. ଚନ୍ଦ୍ରଚୂଡ଼ ଅଚଳାବସ୍ଥାକୁ ଦୃଷ୍ଟିରେ ରଖି ରାଜ୍ୟପାଳଙ୍କ କାର୍ଯ୍ୟକୁ ଭର୍ତ୍ସନା କରିବା ସହ 'ନିଆଁ ସହ ଖେଳନାହିଁ' ବୋଲି ତାଙ୍କୁ ଚେତାବନୀ ଦେଇଥିଲେ। ଏହାସତ୍ତ୍ୱେ ରବି ସମ୍ପୃକ୍ତ ବିଧେୟକଗୁଡ଼ିକୁ ଅଣଦେଖା କରିଚାଲିଥିଲେ। ତେବେ ଗତ ୮ ତାରିଖରେ ଜଷ୍ଟିସ୍ ପର୍ଦ୍ଦିୱାଲାଙ୍କ ଅଧ୍ୟକ୍ଷତାରେ ଗଠିତ ୨ ଜଣିଆ ଖଣ୍ଡପୀଠ କହିଥିଲେ, ସମ୍ବିଧାନର ଅନୁଚ୍ଛେଦ ୨୦୦ ଅଧୀନରେ ମାତ୍ର ୩ଟି ବିକଳ୍ପ ରହିଛି। ସେଗୁଡ଼ିକ ହେଲା ରାଜ୍ୟପାଳ ବିଧେୟକଗୁଡ଼ିକରେ ସ୍ୱାକ୍ଷର କରିବେ, ସମ୍ମତିକୁ ସ୍ଥଗିତ ରଖିବେ କିମ୍ବା ରାଷ୍ଟ୍ରପତିଙ୍କ ନିକଟକୁ ପଠାଇବେ। କିନ୍ତୁ ଏହି ୩ ବିକଳ୍ପ ପାଇଁ ସମୟସୀମା ହେଉଛି ୧ ମାସ। ଏହି ଅବଧି ମଧ୍ୟରେ ରାଜ୍ୟପାଳ ନିଷ୍ପତ୍ତି ନ ନେଲେ ତାଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ପାଇଁ ଅଦାଲତ ବିଚାର କରିପାରିବେ। ଏହି ରାୟ ରାଜ୍ୟପାଳଙ୍କ କ୍ଷମତାକୁ ନ୍ୟୂନ କରୁନାହିଁ ବୋଲି ଖଣ୍ଡପୀଠ ସ୍ପଷ୍ଟ କରିଥିଲେ। ଏହାକୁ ସୁପ୍ରିମକୋର୍ଟର ବରିଷ୍ଠ ଆଇନଜୀବୀ ତଥା ରାଜ୍ୟ ସଭା ସଦସ୍ୟ କପିଲ ସିବଲ ମଧ୍ୟ ପ୍ରଶଂସା କରିଛନ୍ତି। ସର୍ବୋଚ୍ଚ ଅଦାଲତ ବିଲ୍ ସମ୍ପର୍କିତ ପଦକ୍ଷେପ ନେବାରେ ରାଜ୍ୟପାଳମାନଙ୍କ ପାଇଁ ସମୟସୀମା ନିର୍ଦ୍ଧାରଣ କରିବା ଐତିହାସିକ। ଏଥିରେ ରାଜ୍ୟପାଳମାନଙ୍କ ଭୂମିକାକୁ ପରିଭାଷିତ କରାଯାଇଥିବାରୁ ଏହା ସଂଘୀୟ ବ୍ୟବସ୍ଥା ପାଇଁ ଶୁଭଙ୍କର ବୋଲି ସିବଲ କହିଛନ୍ତି।

## ସମ୍ମତି ପାଇଁ ରାଷ୍ଟ୍ରପତିଙ୍କୁ ...

ବିଧେୟକକୁ ରାଷ୍ଟ୍ରପତି ଗ୍ରହଣ କରିବା ଦିନଠାରୁ ୩ ମାସ ଭିତରେ ତା' ଉପରେ ସମ୍ମତି ଦେବେ ବୋଲି ଆମେ ସମୟସୀମା ସ୍ଥିର କରୁଛୁ। ରାଷ୍ଟ୍ରପତି ଏହି ଅବଧି ମଧ୍ୟରେ ବିଧେୟକ ଉପରେ ନିଷ୍ପତ୍ତି ନ ନେଲେ ତାଙ୍କୁ ବିଳମ୍ବ ହେବାର ଉପଯୁକ୍ତ କାରଣ ରେକର୍ଡରେ ଦର୍ଶାଇବାକୁ ପଡ଼ିବ। ଏପରି କି ରାଷ୍ଟ୍ରପତି ଏନେଇ ସମ୍ପୃକ୍ତ ରାଜ୍ୟକୁ ମଧ୍ୟ ଅବଗତ କରାଇବେ। ରାଜ୍ୟଗୁଡ଼ିକ ମଧ୍ୟ ସମନ୍ୱୟ ରକ୍ଷା ପୂର୍ବକ ସହଯୋଗୀ ହୋଇ କେନ୍ଦ୍ର ସରକାରଙ୍କ ପକ୍ଷରୁ କରାଯାଇଥିବା ପ୍ରଶ୍ନର ଉତ୍ତର ତୁରନ୍ତ ଦେବେ ବୋଲି ଶୀର୍ଷ ଅଦାଲତ କହିଛନ୍ତି।

## ଅହଂକାର ରଖନି, ...

ଭାଜପା କର୍ମୀ ଏବଂ ନେତାଙ୍କ ପରିଶ୍ରମ ଓ ଶୃଙ୍ଖଳା ସହ ଦେଶବାସୀଙ୍କ ଭରସା ଓ ଆଶୀର୍ବାଦ ଯୋଗୁ ୧୯ଟି ରାଜ୍ୟରେ ଏନ୍‌ଡିଏ ସରକାର ଅଛି। ଏହି ୧୯ଟି ରାଜ୍ୟରୁ ୧୩ଟି ରାଜ୍ୟରେ ଭାଜପାର ଏକାକୀ ସରକାର ରହିଛି। ବିଧାୟକ ଓ ସାଂସଦମାନେ ସବୁବେଳେ କିଛି ନୂଆ କଥା ଶିଖିବା ଉଚିତ୍। ଏହା ଦ୍ୱାରା ଦଳର ଉନ୍ନତି ହେବା ସହ ସଫଳତା ମିଳିପାରିବ ବୋଲି ରାଷ୍ଟ୍ରୀୟ ଅଧ୍ୟକ୍ଷ ନଡ୍ଡା ନିଜ ବକ୍ତବ୍ୟରେ କହିଛନ୍ତି। ପ୍ରଶିକ୍ଷଣ ଶିବିରରେ ୧ ଘଣ୍ଟାରୁ ଅଧିକ ସମୟ ଧରି ଭାଜପା ସାଂସଦ ଏବଂ ମନ୍ତ୍ରୀ ଓ ବିଧାୟକମାନଙ୍କୁ ରାଷ୍ଟ୍ରୀୟ ଅଧ୍ୟକ୍ଷ ଏଭଳି ଟିପ୍ସ ଦେଇଛନ୍ତି। ମୁଖ୍ୟତଃ ସରକାର, ସଙ୍ଗଠନ ଏବଂ ସୁସମ୍ପର୍କ ଉପରେ ଗୁରୁତ୍ୱ ଦେଇ ସେ ତାଙ୍କ ବକ୍ତବ୍ୟ ରଖିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ, ଉପମୁଖ୍ୟମନ୍ତ୍ରୀ, ମନ୍ତ୍ରୀ, ବିଧାୟକ ଓ ସାଂସଦ ସମସ୍ତେ ଉପସ୍ଥିତ ଥିଲେ। ଏହାପରେ କେନ୍ଦ୍ରମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀମାନେ ମଧ୍ୟ କିଛି ଟିପ୍ସ ଦେଇଛନ୍ତି। ସାମାଜିକ ଗଣମାଧ୍ୟମର ବ୍ୟବହାର କିପରି କରାଯିବ ଏବଂ ତା'ର ଗୁରୁତ୍ୱକୁ ମଧ୍ୟ ପ୍ରଶିକ୍ଷଣ ଶିବିରରେ କୁହାଯାଇଛି।

ମିଳିଥିବା ସୂଚନା ମୁତାବକ, ସବୁ ବିଧାୟକ, ମନ୍ତ୍ରୀ, ଏମ୍‌ପିମାନେ ଶନିବାର ପୁରୀଠାରେ ରାତ୍ରିଯାପନ କରିବେ। ରବିବାର ସନ୍ଧ୍ୟା ପର୍ଯ୍ୟନ୍ତ ଏହି ପ୍ରଶିକ୍ଷଣ ଶିବିର ଚାଲିବ। ସେଠାରେ ପ୍ରଥମ ଦିନ ବିଧାୟକ, ମନ୍ତ୍ରୀ ଓ ଏମ୍‌ପିମାନଙ୍କ ମଧ୍ୟରେ କବାଡ଼ି, ଭଲି ଆଦି ଖେଳର ଆୟୋଜନ ହୋଇଥିଲା। ଏଥିରେ ମଧ୍ୟ ଦଳୀୟ ନେତାମାନେ ସାମିଲ ହୋଇଥିଲେ।

## ଘଡ଼ଘଡ଼ି ସହ...

ଫଳରେ ଆଗାମୀ ଦିନରେ ତାପମାତ୍ରା ୨ରୁ ୩ଡିଗ୍ରୀ ସେଲସିୟସ୍ ହ୍ରାସ ପାଇପାରେ। ରବିବାର ମୟୂରଭଞ୍ଜ, ଭଦ୍ରକ, ବାଲେଶ୍ୱର, କେନ୍ଦ୍ରାପଡ଼ା, ଜଗତ୍‌ସିଂହପୁର, ଯାଜପୁର, ସୁନ୍ଦରଗଡ଼, କେନ୍ଦୁଝର, କଟକ, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ, ଗଜପତି, ଢେଙ୍କାନାଳ, ଦେବଗଡ଼, ଅନୁଗୋଳ, ମାଲକାନଗିରି, କୋରାପୁଟ, ରାୟଗଡ଼ା, ନବରଙ୍ଗପୁର ଆଦି ଜିଲାରେ ବର୍ଷା ଓ ଘଡ଼ଘଡ଼ି ନେଇ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପୂର୍ବାନୁମାନ କରାଯାଇଛି।

## ନ୍ୟାଶନାଲ ହେରାଲ୍ଡ ମାମଲା...

ଇଡି ନିର୍ଦ୍ଦେଶକଙ୍କ ନାମରେ ପଠାଇବାକୁ କୁହାଯାଇଛି। ମନିଲଣ୍ଡରିଂ ପ୍ରତିକାର ଆଇନ (ପିଏମ୍‌ଏଲ୍‌ଏ)ର ଧାରା (୮) ଏବଂ ରୁଲ୍ ୫(୧) ଅନୁଯାୟୀ ଇଡି ଉକ୍ତ ସମ୍ପତ୍ତି ବାଜ୍ୟାପ୍ତ କରିବାକୁ ଯାଉଛି। ବାଜ୍ୟାପ୍ତ ହେବାକୁ ଥିବା ସ୍ଥାବର ସମ୍ପତ୍ତି ପରିମାଣ ୬୬୧ କୋଟି ଟଙ୍କା। ଏହା ବ୍ୟତୀତ ୨୦୨୩ ନଭେମ୍ବରରେ ଇଡି ଏଜେଏଲ୍‌ର ୯୦.୨ କୋଟି ଟଙ୍କାର ଅଂଶଧନକୁ ଜବତ କରିଥିଲା। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟର ତଦନ୍ତକୁ କଂଗ୍ରେସ ପୂର୍ବରୁ ମାମୁଲି ପ୍ରତିଶୋଧ କୌଶଳ କହିବା ସହ ଇଡିକୁ ଭାଜପାର ମେଣ୍ଟ ସହଯୋଗୀ ବୋଲି କହିଥିଲା।

## କକାଙ୍କ ମୁଣ୍ଡ ...

ସମ୍ପର୍କରେ କକା, ପୁତୁରା। ହରିଙ୍କ ଘର ପାଖରେ ଅଭିଯୁକ୍ତ କବି ଏକ ଜବରଦଖଲ ଜମିରେ ଘର କରିଛନ୍ତି। ଏନେଇ ସେମାନଙ୍କ ମଧ୍ୟରେ ବିବାଦ ଲାଗିଥିଲା। ହରି ସର୍ବଦା କବିଙ୍କୁ ଜମି ଛାଡ଼ିବାକୁ ଧମକ ଦେଉଥିଲେ। କିନ୍ତୁ ଅଭିଯୁକ୍ତ ନ ଶୁଣିବାରୁ ହରି ଦିନେ ନା ଦିନେ ତାଙ୍କୁ ହତ୍ୟା କରିବେ ବୋଲି କହିଆସୁଥିଲେ। ଏହାକୁ ନେଇ କବି ନିଜେ ହତ୍ୟାର ଶିକାର ହେବା ପୂର୍ବରୁ କକାଙ୍କୁ ହତ୍ୟା କରିବାକୁ ଯୋଜନା କରିଥିଲେ। ଶୁକ୍ରବାର ରାତିରେ ଗାଁରେ ଦଣ୍ଡନାଚ ଚାଲିଥିବା ବେଳେ କବି କାକାଙ୍କୁ କୌଣସି ବାହାନାରେ ବାହାରକୁ ଡାକି ଆଣି ଏକ କୁରାଢ଼ିରେ ଆକ୍ରମଣ କରିଥିଲେ। ମୁଣ୍ଡରୁ ଗଣ୍ଡିକୁ ଅଲଗା କରିଦେଇ କଟାମୁଣ୍ଡକୁ ଏକ ବ୍ୟାଗ୍‌ରେ ଧରି ଶୁଆକାଟି ଫାଣ୍ଡିରେ ଆତ୍ମସମର୍ପଣ କରିଥିଲେ। କବିଙ୍କ ଅନ୍ୟଜଣେ କକା ଅର୍ଜୁନ ଦେହୁରୀ କହିଛନ୍ତି, ସେ ରାତିରେ କବି ତାଙ୍କ ଭାଇକୁ ହାଣି ହତ୍ୟା କରିଥିବା ଖବର ପାଇଲେ। ପୂର୍ବରୁ ସେମାନେ ଅନେକ କଥାକୁ ନେଇ ଝଗଡ଼ା ଲାଗୁଥିଲେ। ସଦର ପୋଲିସ ଉକ୍ତ ଗ୍ରାମକୁ ଯାଇ ମୃତଦେହ ଜବତକରି ସାଇଣ୍ଟିଫିକ୍ ଟିମ୍ ଓ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ତଦନ୍ତ କରିଛି। ଅପରାଧ ସ୍ୱୀକାର କରିବା ପରେ ପୋଲିସ ଅଭିଯୁକ୍ତକୁ ଗିରଫ କରିଛି। ପୋଲିସ ଏକ ହତ୍ୟା ମାମଲା (ନଂ.୧୭୨/୨୦୨୫) ରୁଜୁ କରି ତଦନ୍ତ ଆରମ୍ଭ କରିଛି। ସଦର ଉପଖଣ୍ଡ ପୋଲିସ ଅଧିକାରୀ ସୁଦର୍ଶନ ଗାଙ୍ଗଇ କହିଛନ୍ତି, ଏକ ଜମି ଉପରେ ଘର କରିବାକୁ ନେଇ ଏହି ହତ୍ୟାକାଣ୍ଡ ଘଟିଛି। ଅଭିଯୁକ୍ତଙ୍କୁ ଗିରଫ ସହ ହତ୍ୟାରେ ବ୍ୟବହୃତ ଅସ୍ତ୍ର ଜବତ କରାଯାଇ ତଦନ୍ତ ଜାରି ରହିଛି।

## ଭାଇଙ୍କୁ ତୀର ମାରି ହତ୍ୟା ...

ସନାତନ ବଡ଼ଭାଇ ଗମିୟାଙ୍କୁ ତୀରମାଡ଼ କରିଥିଲେ। ଘଟଣା ସ୍ଥଳରେ ହିଁ ଗମିୟାଙ୍କ ମୃତ୍ୟୁ ଘଟିଥିଲା। ଗମିୟାଙ୍କ ମୃତ୍ୟୁ ହେବା ଜାଣି ଭୟରେ ସନାତନ ବିଷ ପିଇ ଦେଇଥିଲେ। ଖବରପାଇ ମହୁଲପଦା ପୋଲିସ ଓ ସାଇଣ୍ଟିଫିକ୍ ଦଳ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ପୋଲିସ ଗମିୟାଙ୍କ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ରବିବାର ବ୍ୟବଚ୍ଛେଦ କରାଯିବ ବୋଲି ପୋଲିସ ସୂଚନା ଦେଇଛି।

## ସ୍ତ୍ରୀଙ୍କୁ କଟୁରିରେ ...

ଗ୍ରାମର ଲକ୍ଷ୍ମୀପ୍ରିୟାଙ୍କୁ ୪ବର୍ଷ ତଳେ ବିବାହ କରିଥିଲେ। ହେଲେ ଅନେକ ସମୟରେ ସ୍ୱାମୀ ଓ ସ୍ତ୍ରୀଙ୍କ ମଧ୍ୟରେ ପାରିବାରିକ କଳହ ଲାଗି ରହୁଥିଲା। ଥାନାରେ ସ୍ତ୍ରୀଙ୍କ ଅଭିଯୋଗକ୍ରମେ ବାଙ୍କନିଧିଙ୍କୁ ପୋଲିସ ଗିରଫ କରି କୋର୍ଟ ଚାଲାଣ କରିଥିଲା। ବାଙ୍କନିଧି ଜେଲରୁ ଜାମିନରେ ଆସିବା ପରେ ଲକ୍ଷ୍ମୀପ୍ରିୟାଙ୍କୁ ମାରିବାକୁ ଉଦ୍ୟମ କରୁଥିଲେ। ମଧ୍ୟାହ୍ନରେ ଲକ୍ଷ୍ମୀପ୍ରିୟା କଳାପଥର ସ୍ୱାସ୍ଥ୍ୟକେନ୍ଦ୍ରକୁ ଝିଅର ଚିକିତ୍ସା ପାଇଁ ଯାଇଥିଲେ। ପୂର୍ବ ରାଗ ରଖି ବାଙ୍କନିଧି ସ୍ୱାସ୍ଥ୍ୟକେନ୍ଦ୍ର ସମ୍ମୁଖରେ କଟୁରିରେ ହାଣିବାକୁ ଗଲାବେଳେ ଚୋଟଟି ସ୍ତ୍ରୀଙ୍କ ବେକରେ ନ ବାଜି କାଖରେ ଧରିଥିବା ୩ ବର୍ଷର ଝିଅ ମୁଣ୍ଡରେ ବାଜିଥିଲା। ରକ୍ତାକ୍ତ ଅବସ୍ଥାରେ ଝିଅକୁ ଚିକିତ୍ସା ଲାଗି ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସା ପରେ ପୋଲିସ ଉଭୟ ଝିଅ ଓ ମା'ଙ୍କୁ ଥାନାକୁ ନେଇ ରଖିଛି। ଲକ୍ଷ୍ମୀପ୍ରିୟାଙ୍କ ଏତଲା ଆଧାରରେ ପୋଲିସ ନଂ. ୬୮/୨୫ରେ ମାମଲା ରୁଜୁ କରିଛି। ଅନ୍ୟପକ୍ଷେ ଘଟଣା ଘଟାଇ ଅଭିଯୁକ୍ତ ବାଙ୍କନିଧି ଗିରଫ ଭୟରେ ଫେରାର ହୋଇଯାଇଛନ୍ତି ବୋଲି ଆଇଆଇସି ପ୍ରଭାକର ନାୟକ କହିଛନ୍ତି।

## ଭାରତୀୟ ଫାର୍ମା କମ୍ପାନୀ...

ଅଭିଯୋଗ ହୋଇଛି। ଏହି ଆକ୍ରମଣରେ ଶିଶୁ ଓ ବୟସ୍କଙ୍କ ପାଇଁ ଉଦ୍ଦିଷ୍ଟ ବହୁ ପରିମାଣର ଔଷଧ ଧ୍ୱଂସ ହୋଇଯାଇଛି। ବ୍ୟବସାୟୀ ରାଜୀବ ଗୁପ୍ତାଙ୍କ ଏହି ସଂସ୍ଥା ୟୁକ୍ରେନ୍‌ରେ ସର୍ବବୃହତ୍ ଔଷଧ କମ୍ପାନୀ। ଅନ୍ୟପକ୍ଷରେ ମିଶାଇଲ ନୁହେଁ, ରୁଷୀୟ ଡ୍ରୋନ୍ ଦ୍ୱାରା ଏହି ଆକ୍ରମଣ ହୋଇଥିବା ୟୁକ୍ରେନ୍‌ସ୍ଥିତ ବ୍ରିଟେନ୍ ରାଷ୍ଟ୍ରଦୂତ ମାର୍ଟିନ୍ ହାରିସ୍ କହିଛନ୍ତି।

## ସୁଟ୍‌କେସ୍‌ରେ...

ଓପି ଜିନ୍ଦଲ ଗ୍ଲୋବାଲ ୟୁନିଭର୍ସିଟିର ପିଆର୍‌ଓ କହିଛନ୍ତି, ବିଶ୍ୱବିଦ୍ୟାଳୟର କେତେଜଣ ଛାତ୍ର ଦୁଷ୍ଟାମି ଓ ମଜାମସ୍ତିରେ ଲିପ୍ତ ରହୁଥିବାରୁ, କିଛିଦିନ ତଳେ ବିଶ୍ୱବିଦ୍ୟାଳୟ ପ୍ରଶାସନ ପକ୍ଷରୁ ଛାତ୍ରାବାସର ସୁରକ୍ଷାକୁ କଡ଼ାକଡ଼ି କରାଯାଇଥିଲା। ତେଣୁ ଏବେ ଏହି ଘଟଣା ସାମ୍ନାକୁ ଆସିଛି। କଲେଜ ଜୀବନରେ ଏପରି ଅନେକ ଘଟଣା ଘଟିଥାଏ, ତେଣୁ ଏହା କୌଣସି ବଡ଼ ଘଟଣା ନୁହେଁ ବୋଲି ସେ କହିଛନ୍ତି। ବର୍ତ୍ତମାନ ସୁଦ୍ଧା ଏହି ଘଟଣାକୁ ନେଇ କୌଣସି ଅଭିଯୋଗ ଦାଖଲ ହୋଇନାହିଁ।

**୧୭ରେ ବିଜୁବାବୁଙ୍କ ତିରୋଧାନ ଦିବସ ପାଳିବ ବିଜେଡି**

ଭୁବନେଶ୍ୱର, (ସୁନିତ୍ ମିଶ୍ର): ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୁ ପଟ୍ଟନାୟକଙ୍କ ୨୮ତମ ତିରୋଧାନ ଦିବସ ଆସନ୍ତା ୧୭ ତାରିଖରେ ରାଜ୍ୟର ପ୍ରତ୍ୟେକ ନିର୍ବାଚନମଣ୍ଡଳୀ ସ୍ତରରେ ପାଳନ କରାଯିବ। ଏନେଇ ବିଜେଡି ସଭାପତି ନବୀନ ପଟ୍ଟନାୟକ ଦଳର ସବୁ ଏମ୍ପି, ବିଧାୟିକା ବିଧାୟକ, ନିର୍ବାଚନମଣ୍ଡଳୀର ସମସ୍ତ କର୍ମକର୍ତ୍ତା, ଜିଲା ପରିଷଦ ସଭାପତି, ବ୍ଲକ୍ ଓ ନଗର ଅଧକ୍ଷ, ବ୍ଲକ୍ ଓ ନଗର ସଭାପତିମାନଙ୍କୁ ଶନିବାର ଚିଠି ଲେଖି ଅବଗତ କରାଇଛନ୍ତି। କାର୍ଯ୍ୟକ୍ରମ ପାଳନ ପରେ ଏହାର ଫଟୋଚିତ୍ର ଶଙ୍ଖ ଭବନ ହ୍ୱାଟ୍ସଆପ୍ ନମ୍ବରରେ ପଠାଇବାକୁ ନବୀନ କହିଛନ୍ତି।




ପୁରୀସ୍ଥିତ ସ୍ୱାମୀ ନାରାୟଣ ମୁଖ୍ୟ ମନ୍ଦିର ପରିସରରେ ଶନିବାର ଆୟୋଜିତ ଭାଜପାର ପ୍ରଶିକ୍ଷଣ ଶିବିରରେ ଉପସ୍ଥିତ ଦଳୀୟ ମନ୍ତ୍ରୀ, ଏମ୍ପି ଏବଂ ବିଧାୟକମାନେ। (ଫଟୋ– ଯଜ୍ଞେଶ୍ୱର ମହାନ୍ତି)

# ପାଣ୍ଡିଆନ୍ଙ୍କୁ ପ୍ରଥମେ ବିରୋଧ କରିଥିଲି: ପାଟଶାଣୀ

ଭୁବନେଶ୍ୱର, ୧୨।୪(ସୁନିତ୍ ମିଶ୍ର)


ପ୍ରସନ୍ନ ପାଟଶାଣୀ

ବିଜେଡିରେ ଥିବାବେଳେ ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ରାଜନୈତିକ ପରାମର୍ଶଦାତା ଭି.କେ. ପାଣ୍ଡିଆନ୍ଙ୍କୁ କେହି ବିରୋଧ କରିପାରୁ ନ ଥିଲେ। ତେବେ ସେତେବେଳେ ତାଙ୍କୁ ପ୍ରଥମେ ସେ ହିଁ ବିରୋଧ କରିଥିବା କହିଛନ୍ତି ଭାଜପା ନେତା ତଥା ପୂର୍ବତନ ଏମ୍ପି ପ୍ରସନ୍ନ ପାଟଶାଣୀ। ୱାକ୍ଫ ବିଲ୍ ସପକ୍ଷରେ ରାଜ୍ୟ ସଭାରେ କେତେଜଣ ବିଜେଡି ସଦସ୍ୟଙ୍କ ଭୋଟିଂକୁ ନେଇ ନବୀନଙ୍କୁ ଦଳ ଭିତରୁ ଓ ବାହାରୁ ଟାର୍ଗେଟ କରାଯାଉଥିବାବେଳେ ଶନିବାର ଭାଜପା ନେତା ପାଟଶାଣୀ ମୁହଁ ଖୋଲି ବର୍ଷିଛନ୍ତି। ପାଟଶାଣୀ କହିଛନ୍ତି, ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବର୍ତ୍ତମାନର ବିରୋଧୀ ଦଳ ନେତା ନବୀନ ତାଙ୍କ ସହଯୋଗୀ ପାଣ୍ଡିଆନ୍ଙ୍କ କଥାରେ ଭୀଷଣ ମିଛ କହୁଛନ୍ତି। ପାଣ୍ଡିଆନ୍ ରାଜନୀତିରୁ ସନ୍ନ୍ୟାସ ନେବା କଥା କହିବା ସବୁଠାରୁ ବଡ଼ ମିଛ। ପାଣ୍ଡିଆନ୍ଙ୍କ ଯୋଗୁ ବିଜେଡି ନିର୍ବାଚନ ହାରିଛି। ବିଜେଡିରେ ନେତାମାନେ ଅଣନିଃଶ୍ୱାସୀ ହୋଇଗଲେଣି। ପରବୁଦ୍ଧିରେ ବାଟ ଚାଲିଲେ ଘର ଭାଙ୍ଗିବ। ପାଣ୍ଡିଆନ୍ଙ୍କ ପାଇଁ ବିଜେଡିର ଏପରି ବିପର୍ଯ୍ୟୟ। ତଥାପି ନବୀନ କାହିଁକି ତାଙ୍କୁ ଛାଡ଼ିପାରୁ ନାହାନ୍ତି ତାହା ଆଶ୍ଚର୍ଯ୍ୟ ଲାଗୁଛି। ଲୋକମାନେ ବିଜେଡିକୁ ଫୋପାଡ଼ିଦେଲେ। ପାଣ୍ଡିଆନ୍ଙ୍କ ପାଖରେ କ'ଣ ଅଛି ନବୀନ ତାଙ୍କୁ ଡରୁଛନ୍ତି। ବିଜେଡିରେ ଏବେ ବି ବିଭୀଷଣ ଷଡ଼ଯନ୍ତ୍ର ଚାଲିଛି। ତାଙ୍କ ବିରୋଧରେ ମଧ୍ୟ ଷଡ଼ଯନ୍ତ୍ର ହୋଇଥିଲା। ପ୍ରଥମେ ସେ ପାଣ୍ଡିଆନ୍ଙ୍କୁ ବିରୋଧ କରିଥିଲେ। ଚିଲିକାରୁ ଟିକେଟ ଚାହୁଁଥିଲେ, ଶେଷ ସମୟରେ ତାଙ୍କୁ ବାଦ୍ ଦିଆଗଲା। ଏବେ ପ୍ରଭାତ ତ୍ରିପାଠୀଙ୍କୁ ନେଇ ନବୀନଙ୍କ ମନ୍ତବ୍ୟ ଦୁର୍ଭାଗ୍ୟଜନକ। ନେତାଙ୍କୁ ତାଗିଦ କରିବା ଅଧିକାର କାହାର ନାହିଁ। ନବୀନଙ୍କ ଚେତାବନୀ କିଛି କାମ କରିବନାହିଁ। ବିଜେଡିରେ ନେତାମାନେ ଅଣନିଃଶ୍ୱାସୀ ହୋଇଗଲେଣି। ପାଣ୍ଡିଆନ୍ ଆସିବା ଦିନଠାରୁ ଦଳ ଧ୍ୱଂସ ପାଇଗଲା। ନବୀନବାବୁ ସବୁବେଳେ ପାଣ୍ଡିଆନ୍ଙ୍କୁ ସମର୍ଥନ କରୁଥିବାରୁ ତାଙ୍କ ମାର୍କେଟ ଗଲା ବୋଲି ପାଟଶାଣୀ କହିଛନ୍ତି।

ପାଟଶାଣୀଙ୍କ ମନ୍ତବ୍ୟ ଉପରେ ପ୍ରତିକ୍ରିୟା ରଖି ବିଜେଡି ନେତା ଦେବୀପ୍ରସାଦ ମିଶ୍ର କହିଛନ୍ତି, ତାଙ୍କ ଦଳରେ କେଉଁଠି ଅସନ୍ତୋଷ ନାହିଁ। ପାଟଶାଣୀବାବୁ ବିଜେଡିରେ ଥିବାବେଳେ ଦଣ୍ଡ ଧରି ତାଙ୍କ ଦଳ ଦଉଡ଼ିକୁ ସମ୍ଭାଳିଥିଲେ। ଯୁଆଡ଼େ ଗଲେ ବି ତାଙ୍କ ଦଣ୍ଡର ପ୍ରଭାବ ରହିବ ବୋଲି ଦେବୀ କହିଛନ୍ତି। ସେହିପରି ବିଜେଡି ବିଧାୟକ ଅରୁଣ କୁମାର ସାହୁ କହିଛନ୍ତି, କିଛି ବିଜେଡି ନେତା ଏକାଠି ହେଲେ ତାକୁ ମେଳି ବୋଲି କହୁଛନ୍ତି। କେହି ଏକାଠି ବସିଲେ କ'ଣ ତାହା ଆନ୍ଦୋଳନ ହେଉଛି। ସବୁ ମେଳିରେ ନବୀନ ପଟ୍ଟନାୟକ ଆମର ସର୍ବମାନ୍ୟ ନେତା ତେଣୁ ତାହା ହିଁ ଯଥେଷ୍ଟ ବୋଲି ଅରୁଣ କହିଛନ୍ତି।

# ନବୀନଙ୍କ ବୁଦ୍ଧି ଉଦୟ ହେଉନି: ଜୟନାରାୟଣ

ଭୁବନେଶ୍ୱର, ୧୨।୪(ସୁନିତ୍ ମିଶ୍ର)

ଭାଜପା ହୁଇସିଲ୍ ଫୁଙ୍କିଲେ ବିଜେଡି ଭାଙ୍ଗିଯିବ। ଆମେମାନେ ହୁଇସିଲ୍ ଅପେକ୍ଷାରେ ରହିଛୁ। ଯେଉଁଦିନ ଫୁଙ୍କା ହେବ ସେଦିନ ବିଜେଡି ଗୋଲ୍ ହୋଇଯିବ। ତାସ୍ ପତା ଭଳି ବିଜେଡି ଭାଙ୍ଗିଯିବ। ବିଜେଡି ଲୋପ ପାଇବା ବିଜେଡିର ଇଚ୍ଛାଧୀନ ବ୍ୟାପାର। ବିଜେଡିର ସମସ୍ତେ ଯୋଗାଯୋଗରେ ଅଛନ୍ତି, ଆଗକୁ ଅନେକ କଥା ଘଟିବ ବୋଲି ଭାଜପା ବିଧାୟକ ଜୟନାରାୟଣ ମିଶ୍ର କହିଛନ୍ତି।

ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଜୟନାରାୟଣ କହିଛନ୍ତି, ରାଜ୍ୟର ଖଣି, ପାଣି ସବୁ ପାଣ୍ଡିଆନ୍ ଲୁଟ୍ କରିଛନ୍ତି। ସେହି ଲୋକକୁ ଛଡ଼ାଯିବା ଉଚିତ ନୁହେଁ। ବିଜେଡି ନେତାମାନେ ଏବେ ତାଙ୍କ ବିରୋଧରେ ଯେଉଁ ମୁହଁ ଖୋଲୁଛନ୍ତି ସେମାନଙ୍କୁ ସେ ସାହସ ଦେଇଛନ୍ତି। ଦୀର୍ଘଦିନ ଧରି ପାଣ୍ଡିଆନ୍ଙ୍କୁ ନେଇ ବିଜେଡି ନେତାମାନେ ନିଜର ଅସନ୍ତୋଷ ଚାପି ରଖିଥିଲେ। ଏବେ ସେଗୁଡିକ ଉଗ୍ରରୂପ ଧାରଣ କରି ବାହାରକୁ ବାହାରୁଛି। ଆଗକୁ ଅଧିକ ବାହାରିବା ଦରକାର। ଅଧିକ ବାହାରିଲେ ସେ ଲୋକ ଏକ୍ସପୋଜ ହେବ। ପାଣ୍ଡିଆନ୍ ଓ ନବୀନଙ୍କ ଭିତରେ କ'ଣ କେମିଷ୍ଟ୍ରି ରହିଛି ଜାଣିନି। ସେ ଲୋକ ପାଇଁ ଦଳ ଏତେ ବୁଡ଼ିଲା ପରେ ବି ନବୀନଙ୍କ ବୁଦ୍ଧି ଉଦୟ ହେଉନାହିଁ ଅର୍ଥ ସେମାନଙ୍କ ଭିତରେ କିଛି ପ୍ରୀତି ମଧୁର ରହିଥିବ ବୋଲି ଜୟନାରାୟଣ କହିଛନ୍ତି।

# ଭାଜପା ସରକାର ବିରୋଧରେ ଆନ୍ଦୋଳନ କରିବ ଯୁବକଂଗ୍ରେସ: ମହେଶ

ଭୁବନେଶ୍ୱର, ୧୨।୪(ସୁନିତ୍ ମିଶ୍ର)

ଓଡ଼ିଶାର ଭାଜପା ସରକାର ବିରୋଧରେ ଯୁବକଂଗ୍ରେସ ଦୁର୍ବାର ଆନ୍ଦୋଳନ କରିବ। ୧୦ ମାସ ଅତିବାହିତ ହେଲାପରେ ମଧ ରାଜ୍ୟର ଭାଜପା ସରକାର ନିର୍ବାଚନୀ ପ୍ରତିଶ୍ରୁତି ପାଳନ କରିବାରେ ଅସମର୍ଥ ହୋଇଛି। ମହିଳାଙ୍କୁ ସୁରକ୍ଷିତ ଓ ସ୍ୱାବଲମ୍ବୀ କରିବା ପାଇଁ ପ୍ରତିଶ୍ରୁତି ଦେଇଥିଲେ, ମାତ୍ର ମହିଳା ନିର୍ଯାତନା, ବଳାତ୍କାର ଅନିୟନ୍ତ୍ରିତ ହୋଇପଡ଼ିଛି। ସେହିପରି ୩୦୦ ୟୁନିଟ୍ ମାଗଣା ବିଜୁଳି ଦେବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଏବେ ସ୍ମାର୍ଟମିଟର ଲଗାଇ ଶୋଷଣ କରିବା ସହ ବାରମ୍ବାର ବିଜୁଳି କାଟ ଚାଲିଛି। ମାଗଣା ବିଜୁଳି କଥା ଆଉ ମୁହଁରେ ଧରୁନାହାନ୍ତି ବୋଲି ପ୍ରଦେଶ ଯୁବ କଂଗ୍ରେସର ନୂତନ ପ୍ରଭାରୀ ମହେଶ ଦେଶମୁଖ କହିଛନ୍ତି।

ଯୁବକଂଗ୍ରେସ ପ୍ରଭାରୀ ମହେଶଙ୍କୁ କଂଗ୍ରେସ ଭବନଠାରେ ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ସମ୍ବର୍ଦ୍ଧନା ଦିଆଯାଇଛି। ଏହି ଅବସରରେ ଜିଲା ଯୁବ କଂଗ୍ରେସ ସଭାପତି ଏବଂ ରାଜ୍ୟ କର୍ମକର୍ତ୍ତାଙ୍କ ବୈଠକରେ ଯୋଗଦେଇ ସେ କହିଛନ୍ତି, ରାଜ୍ୟର ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ ହୋଇପଡ଼ିଛି। ରାଜ୍ୟ ସରକାର ଚାଷୀ ଓ ଚାଷ ପ୍ରତି ଚରମ ଅବହେଳା ପ୍ରଦର୍ଶନ କରୁଛନ୍ତି। ବିନା କଟ୍ନି ଛଟ୍ନିରେ ଚାଷୀର ସମସ୍ତ ଧାନ କିଣିବାକୁ ପ୍ରତିଶ୍ରୁତି ଦିଆଯାଇଥିବା ବେଳେ ଏବେ କଟ୍ନି ଛଟ୍ନି କରି ଚାଷୀଙ୍କୁ ଶୋଷଣ କରାଯାଉଛି ବୋଲି ମହେଶ କହିଛନ୍ତି।


ପ୍ରଦେଶ ଯୁବ କଂଗ୍ରେସର ନୂତନ ପ୍ରଭାରୀ ମହେଶ ଦେଶମୁଖଙ୍କୁ କଂଗ୍ରେସ ଭବନଠାରେ ଯୁବକଂଗ୍ରେସ ନେତାମାନେ ସ୍ୱାଗତ କରୁଛନ୍ତି।

# ଜିଲାସ୍ତରୀୟ ସର୍ବୋଦୟ ସଂକଳ୍ପ ଶିବିର

ଭବାନୀପାଟଣା,୧୨।୪(ଉତ୍ତମ କୁମାର ଦାଶ)

**ରାଜୀବ ଗାନ୍ଧୀ ପଞ୍ଚାୟତିରାଜ ସଙ୍ଗଠନ**

ଓଡ଼ିଶା ରାଜୀବ ଗାନ୍ଧୀ ପଞ୍ଚାୟତିରାଜ ସଂଗଠନ ପକ୍ଷରୁ ଶନିବାର ଭବାନୀପାଟଣା ସହରସ୍ଥିତ ଅଗ୍ରସେନ ଭବନଠାରେ ଜିଲାସ୍ତରୀୟ ସର୍ବୋଦୟ ସଂକଳ୍ପ ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଭକ୍ତ ଚରଣ ଦାସ ଯୋଗଦେଇ ଶିବିର ଉଦ୍‌ଘାଟନ କରିଥିଲେ। ଅତିଥି ଭାବେ ଜାତୀୟ ସାଧାରଣ ସମ୍ପାଦକ କୁନାଲ ବାନାର୍ଜୀ, ଜିଲା କଂଗ୍ରେସ ସଭାପତି ଭାରତ ଭୂଷଣ ବେମାଲ, ସଂଗଠନର ଜାତୀୟ କାର୍ଯ୍ୟକାରିଣୀ ସଦସ୍ୟ ସଚିନ ନାଏକ, ରାଜ୍ୟ ଅଧ୍ୟକ୍ଷ ସୁଦର୍ଶନ ଦାସ, ଉପାଧ୍ୟକ୍ଷ ନିମାଇଁ ସରକାର, ସାଧାରଣ ସମ୍ପାଦକ ବିଜୟ ପ୍ରଧାନ, ନବରଙ୍ଗପୁର ପୂର୍ବତନ ଜିଲା ସଭାପତି ମୁନା ତ୍ରିପାଠୀ ପ୍ରମୁଖ ଯୋଗଦେଇ ଶିବିରାର୍ଥୀମାନଙ୍କୁ ତାଲିମ ଦେଉଛନ୍ତି। ରାଜ୍ୟ ସାଧାରଣ ସମ୍ପାଦକ ସରୋଜ ବାଗ ମଞ୍ଚ ପରିଚାଳନା କରିଥିବାବେଳେ ରାଜ୍ୟ ଯୁବ କଂଗ୍ରେସ ସାଧାରଣ ସମ୍ପାଦିକା ମନ୍ଦାକିନୀ ବାଣୁଆ ସହଯୋଗ କରିଥିଲେ। ଶିବିରରେ ଜିଲାର ପ୍ରତି ବ୍ଲକ ଓ ଜୋନ ସ୍ତରରୁ ସଂଗଠନର କାର୍ଯ୍ୟକର୍ତ୍ତାଙ୍କ ସମେତ ରାଜ୍ୟ ଓ ଜାତୀୟ ସ୍ତରର ପଦାଧିକାରୀ ଯୋଗ ଦେଇଛନ୍ତି। ରବିବାର ଏହାର ଉଦ୍‌ଯାପନୀ ସମାରୋହ ଅନୁଷ୍ଠିତ ହେବ।

## Business

# ଭୁବନେଶ୍ୱରରେ ରୁପା କିଲୋ ୧.୧୦ ଲକ୍ଷ

ଭୁବନେଶ୍ୱର,୧୨।୪ (ଅଭୟ ଦାଶ)




ଘରୋଇ ବଜାରରେ କ୍ରମାଗତ ଭାବେ ସୁନା ଓ ରୁପାର ମୂଲ୍ୟ ବୃଦ୍ଧି ପାଇଚାଲିଛି। ଏପରିକି ସୁନା ଦର ସର୍ବୋଚ୍ଚ ସ୍ତରରେ ପହଞ୍ଚିଥିଲା ବେଳେ ରୁପା ଦର କିଲୋଗ୍ରାମ ପିଚ୍ଛା ୧.୧୦ ଲକ୍ଷ (୧,୧୦,୦୦୦ ଟଙ୍କା)ରେ କାରବାର ହେଉଛି।

ଅପରପକ୍ଷରେ ବୈଶ୍ୱିକ ସ୍ତରର ଯୁଦ୍ଧ ପରିସ୍ଥିତି ଏବଂ ଚାଇନା ଓ ଆମେରିକାର ତିକ୍ତତା ସାଙ୍ଗକୁ ନୂଆ ଟାରିଫ୍, ବାଣିଜ୍ୟ ନୀତି ସହ ଉତ୍ପାଦନରେ ହ୍ରାସର ପ୍ରଭାବ ଯୋଗୁ ସୁନା, ରୁପାର ଦର ବୃଦ୍ଧି ହେଉଛି। ସେହିଭଳି ଫେଡେରାଲର ରିଜର୍ଭର ସୁଧହାର ବୃଦ୍ଧି ଏବଂ ଟ୍ରମ୍ପଙ୍କ ନୂଆ ବାଣିଜ୍ୟ ନୀତିର ପ୍ରଭାବ ଭାରତୀୟ ବଜାରରେ ସିଧାସଳଖ ପ୍ରଭାବ ପକାଉଛି।

ଉଲ୍ଲେଖଯୋଗ୍ୟ, ଶନିବାର ଭୁବନେଶ୍ୱରରେ ରୁପା ଦର କିଲୋପିଚ୍ଛା ୧.୧୦ ଲକ୍ଷ ଟଙ୍କା ଥିଲାବେଳେ ୨୪ କ୍ୟାରେଟ ସୁନା ଦର ପ୍ରତି ୧୦ ଗ୍ରାମ ପିଚ୍ଛା ୯୫,୫୮୦ ଟଙ୍କା ଥିଲାବେଳେ ୨୨ କ୍ୟାରେଟ ସୁନା ଦର ପ୍ରତି ୧୦ ଗ୍ରାମ ପିଚ୍ଛା ୮୭,୭୦୦ ଟଙ୍କାରେ କାରବାର ହେଉଛି। ଏପରିକି ରାଜ୍ୟର ପ୍ରମୁଖ ସହର କଟକ, ପୁରୀ, ବ୍ରହ୍ମପୁର, ସମ୍ବଲପୁର, ରାଉରକେଲା, ଝାରସୁଗୁଡା, ଅନୁଗୋଳ, ଭଦ୍ରକ, ବାଲେଶ୍ୱର, କେନ୍ଦ୍ରାପଡ଼ା, ଯାଜପୁର, କେନ୍ଦୁଝର, ବରଗଡ଼, କୋରାପୁଟ, ମାଲକାନଗିରି ଏବଂ କଳାହାଣ୍ଡି ଭଳି ସହରର ରୁପା କିଲୋ ପିଚ୍ଛା ୧.୮ରୁ ୧.୧୦ ଲକ୍ଷ ମଧ୍ୟରେ କାରବାର ହେଉଛି ବୋଲି ରାଜ୍ୟର ପ୍ରମୁଖ ଅଳଙ୍କାର ପ୍ରତିଷ୍ଠାନଗୁଡିକ ପକ୍ଷରୁ ବିସ୍ତୃତ ଭାବେ ସୂଚନା ଦିଆଯାଇଛି।

ସେହିପରି ନୂଆଦିଲ୍ଲୀରେ ରୁପା କିଲୋଗ୍ରାମ ପିଚ୍ଛା ୯୪,୩୩୦ ଟଙ୍କା ରହିଥିଲାବେଳେ ମୁମ୍ବାଇ, ଚେନ୍ନାଇ ଏବଂ କୋଲକାତା ଭଳି ପ୍ରମୁଖ ମହାନଗରରେ ରୁପା କିଲୋଗ୍ରାମ ପିଚ୍ଛା ୯୪,୪୯୦ ଟଙ୍କା, ୯୪,୭୬୦ ଟଙ୍କା ଏବଂ ୯୪,୩୬୦ ଟଙ୍କାରେ କାରବାର ହେଉଛି। ଉପରୋକ୍ତ ମହାନଗରଗୁଡ଼ିକରେ ସୁନା ଦର ୯୪,୦୦୦ ରୁ ୯୬,୦୦୦ ଟଙ୍କାରେ ପହଞ୍ଚିଛି।

# ଜେଏସ୍‌ଡବ୍ଲ୍ୟୁ ପେଣ୍ଟସ୍‌ର ନୂତନ ଅଭିଯାନ

ମୁମ୍ବାଇ, ୧୨।୪

ଜେଏସ୍‌ଡବ୍ଲ୍ୟୁ ପେଣ୍ଟସ୍‌ର ନୂତନ ଅଭିଯାନ 'ରଙ୍ଗୋ କା ଖେଲ ୨.୦'ର ଶୁଭାରମ୍ଭ ନିକଟରେ ହୋଇଯାଇଛି। ବିଶେଷକରି ଇଣ୍ଡିଆନ୍ ପ୍ରିମିୟର ଲିଗ୍ ବା ଆଇପିଏଲ୍ ୨୦୨୫ ପାଇଁ ଏହି ନୂତନ ଅଭିଯାନ ଆରମ୍ଭ ହୋଇଛି। ପୂର୍ବ ଅଭିଯାନର ସଫଳତାକୁ ଆଧାରକରି ନୂତନ ସଂସ୍କରଣରେ ରଙ୍ଗ, ସାମୂହିକ ଭାବନା ଏବଂ ଚର୍ଚ୍ଚିତ ଚେହେରାର ମିଶ୍ରଣ ସହିତ ସିନେମା ଏବଂ ଉତ୍ସବର ଅନୁଭୂତିକୁ ଉନ୍ନତ କରାଯାଇଛି। ଜେଏସ୍‌ଡବ୍ଲ୍ୟୁ ପେଣ୍ଟସ୍‌ର ଯୁଗ୍ମ ଏମ୍‌ଡି ତଥା ସିଇଓ ସୁନ୍ଦରେସନ ଏଏସ୍ କହିଛନ୍ତି, କ୍ରିକେଟ ଆଜି ରଙ୍ଗ ଓ ଭାବନାର ଏକ ଶକ୍ତିଶାଳୀ ପର୍ବ । ରଙ୍ଗୋ କା ଖେଲ ୨.୦' ଜରିଆରେ ଆମେ ଲକ୍ଷ ଲକ୍ଷ କ୍ରିକେଟ୍ ପ୍ରଶଂସକଙ୍କ ସହ ଆମର ସମ୍ପର୍କକୁ ସୁଦୃଢ଼ କରିବାକୁ ଲକ୍ଷ୍ୟ ରଖିଛୁ। କ୍ରିକେଟ କିମ୍ବଦନ୍ତୀ, ଗୋଷ୍ଠୀ ସଦ୍‌ଭାବନା ଏବଂ ଆମର ଜୀବନ୍ତ ପରିସର ସହିତ ଆମେ ଜାଣିବାକୁ ଚାହୁଁଥିଲୁ।

# ଏଫ୍ଆଇଭିବି ପ୍ରଶାସନିକ ବୋର୍ଡରେ ଈଶା

ମୁମ୍ବାଇ, ୧୨।୪


ଈଶା ଅମ୍ବାନୀ

ଅନ୍ତର୍ଜାତୀୟ ଭଲିବଲ ଫେଡେରେଶନ(ଏଫ୍ଆଇଭିବି)କୁ ବିଶିଷ୍ଟ ମହିଳା ଉଦ୍ୟୋଗୀ ଈଶା ଅମ୍ବାନୀ ମନୋନୀତ ହୋଇଛନ୍ତି। ଏପରିକି ୨୦୨୪–୨୮ ଅଲିମ୍ପିକ୍ ଚକ୍ର ପାଇଁ ଈଶା ଅମ୍ବାନୀ ଏବଂ ଲୁଇସ୍ ବାୱଡେନ୍‌ଙ୍କୁ ଏଫ୍ଆଇଭିବିର ପ୍ରଶାସନିକ ବୋର୍ଡରେ ନିଯୁକ୍ତ କରାଯାଇଛି, ଯାହା ସଙ୍ଗଠନର ସର୍ବୋଚ୍ଚ ସ୍ତରରେ ତାଜା ଦୃଷ୍ଟିକୋଣ, ବ୍ୟବସାୟିକ ବୁଦ୍ଧି ଓ କୌଶଳ ଏବଂ ଖେଳାଳି ପ୍ରତିନିଧିତ୍ୱ ଆଣିଛି। ସେହିଭଳି ଈଶା ଏବଂ ଲୁଇସ୍‌ଙ୍କୁ ଏଫ୍ଆଇଭିବି ସମ୍ବିଧାନର ଧାରା ୨.୪.୧.୫ ଅନୁଯାୟୀ ନିଯୁକ୍ତ କରାଯାଇଛି, ଯାହା ଏଫ୍ଆଇଭିବି ସଭାପତିଙ୍କୁ ବିଭିନ୍ନ ବର୍ଗରେ ପ୍ରାୟ ୪ ଜଣ ଅତିରିକ୍ତ ବୋର୍ଡ ସଦସ୍ୟଙ୍କୁ ଚୟନ କରିବାକୁ ଅନୁମତି ଦେଇଥାଏ। ଏହା ଦୃଷ୍ଟିକୋଣର ବ୍ୟାପକତା ସୁନିଶ୍ଚିତ କରିବା ସହ ବୋର୍ଡର ବିବିଧତା ଏବଂ ଅନ୍ତର୍ଭୁକ୍ତୀକରଣକୁ ସୁଦୃଢ଼ କରିଛି। ସେହିପରି ଈଶା ଅମ୍ବାନୀ ଏଫ୍ଆଇଭିବି ବୋର୍ଡରେ ସଂଖ୍ୟାଲଘୁ ଲିଙ୍ଗ ବର୍ଗର ପ୍ରତିନିଧିତ୍ୱ କରୁଥିବା ନିଯୁକ୍ତ ସଦସ୍ୟ ଭାବେ ଯୋଗଦାନ କରିଛନ୍ତି। ବ୍ୟବସାୟ ଜଗତର ନେତୃତ୍ୱ ନେଉଥିବା ସଫଳ ବ୍ୟକ୍ତି ଭାବେ ଈଶା ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ୍‌ର କାର୍ଯ୍ୟନିର୍ବାହୀ ନେତୃତ୍ୱର ଏକ ଅଂଶ ଏବଂ ରିଲାଏନ୍ସ ରିଟେଲ ସମେତ ଅନେକ ଗ୍ରୁପ୍ କମ୍ପାନୀରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଛନ୍ତି। ସେଠାରେ ସେ କମ୍ପାନୀର ବ୍ୟାପକ ଅଭିବୃଦ୍ଧିର ନେତୃତ୍ୱ ନେଇଛନ୍ତି ଏବଂ ପ୍ରମୁଖ ଡିଜିଟାଲ ଏବଂ ଇ–କମର୍ସ ପଦକ୍ଷେପଗୁଡିକୁ ଆଗକୁ ବଢ଼ାଉଛନ୍ତି। ଏଥିସହ ଈଶା କମ୍ପାନୀର ବିବିଧତା ଏବଂ ଅନ୍ତର୍ଭୁକ୍ତୀକରଣ କାର୍ଯ୍ୟକ୍ରମର ନେତୃତ୍ୱ ନେଉଛନ୍ତି ଏବଂ କର୍ମକ୍ଷେତ୍ରରେ ମହିଳାମାନଙ୍କୁ ସଶକ୍ତ କରିବା ଦିଗରେ ବିଭିନ୍ନ ପଦକ୍ଷେପ ନେବାରେ ପ୍ରମୁଖ ଭୂମିକା ଗ୍ରହଣ କରୁଛନ୍ତି।

# ସେନେସ୍‌ର ଏକ୍ସକ୍ଲୁସିଭ ଆଉଟ୍‌ଲେଟ୍

ଭୁବନେଶ୍ୱର,୧୨।୪

ଦେଶର ପ୍ରମୁଖ ତଥା ପ୍ରିମିୟମ ହୀରା ବ୍ରାଣ୍ଡ 'ସେନେସ୍'ର ଏକ୍ସକ୍ଲୁସିଭ ଆଉଟ୍‌ଲେଟ୍ ଶନିବାର ଭୁବନେଶ୍ୱରର ଉତ୍କଳ କନିକା ଗାଲେରିଆ ମଲ୍‌ରେ ଉଦ୍‌ଘାଟିତ ହୋଇଯାଇଛି। ଏହି ଅବସରରେ ଓଡ଼ିଆ ଅଭିନେତ୍ରୀ ଶୀତଲ ପାତ୍ର ସମ୍ମାନିତ ଅତିଥି ଭାବେ ଯୋଗଦେଇ ଏହାର ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସେନେସ୍ ଶୋ'ରୁମ୍‌ର ବରିଷ୍ଠ ଅଧିକାରୀ ଓ କର୍ମଚାରୀମାନେ ଉପସ୍ଥିତ ଥିଲେ। ଅପରପକ୍ଷରେ ସେନେସ୍ ହେଉଛି, ସେନ୍‌କୋ ଗୋଲ୍ଡର ଏକ ସ୍ୱତନ୍ତ୍ର ପଦକ୍ଷେପ। ଏହା ୮୫ ବର୍ଷରୁ ଅଧିକ ସମୟ ଧରି ନିଜର ସମୃଦ୍ଧ କାରିଗରି ପାଇଁ ଜଣାଶୁଣା। ଏହି ବ୍ରାଣ୍ଡରେ ଅନେକ ପ୍ରକାର ଉତ୍କୃଷ୍ଟ ଅଳଙ୍କାର ଖଣ୍ଡ ସାମିଲ ରହିଛି, ଯାହା ସ୍ଥାୟିତ୍ୱର ଭାବକୁ ଦର୍ଶାଉଛି। ଇଟାଲୀୟ ଡିଜାଇନ ଏବଂ ଭାରତୀୟ କାରିଗରିର ଏକ ଅନନ୍ୟ ମିଶ୍ରଣ ସହ ସେନେସ୍ ଉପଭୋକ୍ତା/ଗ୍ରାହକ/ଆପଣଙ୍କୁ ବିଳାସ ଏବଂ ମୌଳିକତାର ଜୀବନଶୈଳୀ ଗ୍ରହଣ କରିବାକୁ ଆମନ୍ତ୍ରଣ କରୁଛି। ଏହି ବ୍ରାଣ୍ଡ ବିଭିନ୍ନ ଡିଜାଇନ, ସୁନ୍ଦର ସେଟିଂରେ ଲାବ୍ ଉତ୍ପାଦିତ ହୀରା ପ୍ରଦାନ କରୁଛି। ଏ ସମ୍ପର୍କରେ ସେନ୍‌କୋ ଗୋଲ୍ଡ ଆଣ୍ଡ ଡାଇମଣ୍ଡସର ନିର୍ଦ୍ଦେଶକ ତଥା ମାର୍କେଟିଂ ଆଣ୍ଡ ଡିଜାଇନ ମୁଖ୍ୟ ଜୋଇତା ସେନ୍ କହିଛନ୍ତି, ଆଧୁନିକ ବିଳାସକୁ ଗ୍ରହଣ କରିବା ସହିତ ଭାରତର ଅତୁଳନୀୟ କାରିଗରୀକୁ ସଂରକ୍ଷଣ ଓ ପାଳନ କରିବା ପାଇଁ ସେନେସ୍ ଆମର ପ୍ରତିବଦ୍ଧତାକୁ ପ୍ରତିଫଳିତ କରୁଛି। ସେହିଭଳି ସେନ୍‌କୋ ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍‌ର ଏମ୍‌ଡି ଓ ସିଇଓ ଶୁଭଙ୍କର ସେନ କହିଛନ୍ତି, ଭୁବନେଶ୍ୱରର ଉତ୍କଳ କନିକା ଗାଲେରିଆ ମଲ୍‌ରେ ଆଜି ଆମର ସେନେସ୍ ଶୋ'ରୁମ୍ ଆନୁଷ୍ଠାନିକ ଭାବେ ଉଦ୍‌ଘାଟିତ ହୋଇଯାଇଛି। ଏହି ଅବସରରେ ହାଉସ୍ ଅଫ୍ ସେନେସ୍ ପକ୍ଷରୁ ଗ୍ରାହକଙ୍କ ଶପିଂ ଅଭିଜ୍ଞତାକୁ ବଢ଼ାଇବା ପାଇଁ ଅନେକ ଉଦ୍‌ଘାଟନୀ ଅଫର ଘୋଷଣା କରାଯାଇଛି। ଏପରିକି ଗ୍ରାହକମାନେ ଚମଡ଼ା ବ୍ୟାଗ୍ ଏବଂ ଆକ୍ସେସରିଜ୍ ଉପରେ ୩୦% ପର୍ଯ୍ୟନ୍ତ ରିହାତି ଏବଂ ଲାବ୍‌ରେ ପ୍ରସ୍ତୁତ ହୀରାର ଏମ୍ଆର୍‌ପି ମୂଲ୍ୟ ଉପରେ ୧୦% ପର୍ଯ୍ୟନ୍ତ ରିହାତି ପାଇପାରିବେ।

# ରିଲାଏନ୍ସ ଜୁଏଲ୍ସର ନୂତନ କଲେକ୍ସନ

ମୁମ୍ବାଇ, ୧୨।୪



ରିଲାଏନ୍ସ ଜୁଏଲ୍ସର ନୂତନ କଲେକ୍ସନ 'ତିରୁପତି କଲେକ୍ସନ' ସହ ଜୁଏଲ୍ସ ଅଫ୍ ଇଣ୍ଡିଆର ୧୦ମ ସଂସ୍କରଣକୁ ନିକଟରେ ଶୁଭାରମ୍ଭ କରାଯାଇଛି। ଏପରିକି ତିରୁପତିର ପବିତ୍ର ଭୂମିକୁ ଶ୍ରଦ୍ଧାଞ୍ଜଳି ଅର୍ପଣକରି ରିଲାଏନ୍ସ ଜୁଏଲ୍ସର ସ୍ୱତନ୍ତ୍ର ସଂଗ୍ରହ ଏବଂ ଜୁଏଲ୍ସ ଅଫ୍ ଇଣ୍ଡିଆର ୧୦ମ ସଂସ୍କରଣରେ 'ତିରୁପତି କଲେକ୍ସନ'କୁ ଆନୁଷ୍ଠାନିକ ଭାବେ ଅନାବରଣ କରାଯାଇଛି। ସେହିଭଳି ସୂକ୍ଷ୍ମ କଳାକୌଶଳରେ ନିର୍ମିତ ଏହି ଡିଜାଇନଗୁଡ଼ିକ ଭଗବାନ ବାଲାଜୀଙ୍କ ଆଧ୍ୟାତ୍ମିକ ମହିମା, ପବିତ୍ର ତିରୁମାଲା ପାହାଡ଼ ଏବଂ ଶ୍ରୀନିବାସ କଲ୍ୟାଣମର ସୁନ୍ଦର ଆକର୍ଷଣକୁ ପ୍ରଦର୍ଶିତ କରୁଛି। ଏହା ରାଜକୀୟ ଚୋକର୍ସ ହେଉ କିମ୍ବା ଆକର୍ଷଣୀୟ ଲମ୍ବା ହାର, ସୂକ୍ଷ୍ମ ହସ୍ତଶିଳ୍ପ ତିଆରି ଚୁଡ଼ି କିମ୍ବା ସୁନ୍ଦର ଭାବେ କାରୁକାର୍ଯ୍ୟପୂର୍ଣ୍ଣ କାନଫୁଲ, ପ୍ରତ୍ୟେକ ଅଳଙ୍କାର ମନ୍ଦିର ପରମ୍ପରାର କଳାତ୍ମକତାକୁ ପ୍ରତିଫଳିତ କରୁଛି, ଯାହା ଆଧୁନିକତା ସହିତ ସହଜ ଭାବରେ ଖାପ ଖୁଆଉଛି। ଏହାର ଉତ୍କୃଷ୍ଟ ସୃଷ୍ଟି ବ୍ୟତୀତ ଜୁଏଲ୍ସ ଅଫ୍ ଇଣ୍ଡିଆ–ତିରୁପତି' କଲେକ୍ସନରେ ଭଗବାନ ବାଲାଜୀଙ୍କ ପବିତ୍ର ତତ୍ତ୍ୱକୁ ଦୈନନ୍ଦିନ ଜୀବନରେ ସାମିଲ କରିବା ପାଇଁ ଡିଜାଇନ୍ କରାଯାଇଥିବା ଏବଂ ହାଲୁକା ଓ ପିନ୍ଧିବା ଯୋଗ୍ୟ ଅଳଙ୍କାରର ଏକ ଶୃଙ୍ଖଳା ମଧ୍ୟ ଏଥିରେ ସାମିଲ ରହିଛି। ଏ ସମ୍ପର୍କରେ ରିଲାଏନ୍ସ ଜୁଏଲ୍ସର ସିଇଓ ସୁନୀଲ ନାୟକ କହିଛନ୍ତି, ଅଳଙ୍କାର କେବଳ ଏକ ଆଭୂଷଣ ନୁହେଁ; ଏହା ଐତିହ୍ୟ, ବିଶ୍ୱାସ ଏବଂ ଦିବ୍ୟ ସମ୍ବନ୍ଧର ଏକ ଶାଶ୍ୱତ ଅଭିବ୍ୟକ୍ତି। ଜୁଏଲ୍ସ ଅଫ୍ ଇଣ୍ଡିଆ ତିରୁପତି କଲେକ୍ସନ ଭଗବାନ ବାଲାଜୀଙ୍କ ପ୍ରତି ଏକ ଭାବପୂର୍ଣ୍ଣ ଶ୍ରଦ୍ଧାଞ୍ଜଳି, ଯାହାର ପ୍ରତ୍ୟେକ ଅଂଶରେ ତାଙ୍କର ଆଶୀର୍ବାଦ ସନ୍ନିହିତ ରହିଛି। ଏହା ଅକ୍ଷୟ ତୃତୀୟାର ଭାବନାକୁ ସୁନ୍ଦର ଭାବେ ପ୍ରସ୍ତୁତ କରୁଛି। ସେହିଭଳି ଆଗାମୀ ଅକ୍ଷୟ ତୃତୀୟାକୁ ସ୍ୱତନ୍ତ୍ର କରିବା ପାଇଁ ରିଲାଏନ୍ସ ଜୁଏଲ୍ସ ସୀମିତ ଅବଧିର ଉତ୍ସବ ରିହାତି ପ୍ରଦାନ କରୁଛି। ସୁନା ଅଳଙ୍କାରରେ ଗଢା ମଜୁରି ଉପରେ ୨୫% ପର୍ଯ୍ୟନ୍ତ ରିହାତି ଏବଂ ହୀରା ଅଳଙ୍କାର ଉପରେ ୩୦% ପର୍ଯ୍ୟନ୍ତ ରିହାତି ଉପଲବ୍ଧ। ଗ୍ରାହକମାନେ ପୁରୁଣା ସୁନା ଉପରେ ୧୦୦% ବିନିମୟ ମୂଲ୍ୟର ଲାଭ ମଧ୍ୟ ନେଇପାରିବେ। ଏହି ଅଫର ୨୦୨୫ ମେ ୫ ପର୍ଯ୍ୟନ୍ତ ବୈଧ ରହିଛି।

# ଟିପିସିଓଡିଏଲ୍‌ରେ ସୁରକ୍ଷା ମାସ ପାଳିତ

ଭୁବନେଶ୍ୱର,୧୨।୪

ଟାଟା ପାୱାର ଏବଂ ଓଡ଼ିଶା ସରକାରଙ୍କ ଏକ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ ଓଡ଼ିଶା ଡିଷ୍ଟ୍ରିବ୍ୟୁଶନ ଲିମିଟେଡ୍(ଟିପିସିଓଡିଏଲ୍)ର ବହୁ ପ୍ରତୀକ୍ଷିତ କାର୍ଯ୍ୟକ୍ରମ ତଥା ସୁରକ୍ଷା ମାସ ନିକଟରେ ପାଳିତ ହୋଇଯାଇଛି। ଏପରିକି ଚଳିତ ବର୍ଷ ଏପ୍ରିଲ ମାସର ପ୍ରଥମ ସପ୍ତାହରେ କମ୍ପାନୀ ସୁରକ୍ଷା ମାସ ଅଭିଯାନ ସମାପ୍ତକରି କାର୍ଯ୍ୟସ୍ଥଳ ଏବଂ ଗୋଷ୍ଠୀ ସୁରକ୍ଷା ପ୍ରତି ନିଜର ପ୍ରତିବଦ୍ଧତାକୁ ଦୋହରାଇଛି। ସେହିଭଳି ରାଷ୍ଟ୍ରୀୟ ସୁରକ୍ଷା ଦିବସ ଏବଂ ଲାଇନମ୍ୟାନ୍ ଦିବସ ଅବସରରେ ଆରମ୍ଭ ହୋଇଥିବା ଏହି ଅଭିଯାନ ରାଷ୍ଟ୍ରୀୟ ସୁରକ୍ଷା ପରିଷଦର ବିଷୟବସ୍ତୁ 'ସୁରକ୍ଷା ଏବଂ ସ୍ୱାସ୍ଥ୍ୟ: ବିକଶିତ ଭାରତ ପାଇଁ ଗୁରୁତ୍ୱପୂର୍ଣ୍ଣ' ସହ ସମାନ୍ତରାଳ ଭାବେ ଚାଲିଥିଲା। ଏହି କାର୍ଯ୍ୟକ୍ରମରେ କର୍ମଚାରୀ ଏବଂ ସେମାନଙ୍କ ପରିବାରର ସକ୍ରିୟ ଅଂଶଗ୍ରହଣରେ ସୁରକ୍ଷା ପ୍ରତିବଦ୍ଧତା, ପାରସ୍ପରିକ କାର୍ଯ୍ୟକଳାପ ଏବଂ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଏପରିକି ଘର, ସଡ଼କ, ଅଗ୍ନି ଏବଂ ବିଦ୍ୟୁତ୍ ସୁରକ୍ଷାକୁ ଏହି କାର୍ଯ୍ୟକ୍ରମରେ ଅଗ୍ରାଧିକାର ଦିଆଯାଇଥିଲା। ଏହି ଅଭିଯାନର ଏକ ପ୍ରମୁଖ ଆକର୍ଷଣ ଥିଲା ସୁରକ୍ଷା ବିଜ୍ଞାନ ମେଳା। ଯେଉଁଠାରେ ପିଲାମାନେ ଜରୁରିକାଳୀନ ଯାନବାହନର ସହାୟତା ପାଇଁ ଏକ ସ୍ମାର୍ଟ ଟ୍ରାଫିକ୍ ସିଷ୍ଟମ୍ ଭଳି ଅଭିନବ ଚିନ୍ତାଧାରା ପ୍ରଦର୍ଶନ କରିଥିଲେ। ଏହି ଅବସରରେ ବିପଦପୂର୍ଣ୍ଣ ପରିସ୍ଥିତି ପାଇଁ ଭିଆର୍ ଆଧାରିତ ସୁରକ୍ଷା ପ୍ରଶିକ୍ଷଣ ମଡ୍ୟୁଲ ଆରମ୍ଭ କରାଯିବା ସହ ୨୦୦୦ରୁ ଅଧିକ ଶ୍ରମ ଦିବସର ସୁରକ୍ଷା ପ୍ରଶିକ୍ଷଣ ପ୍ରଦାନ କରାଯାଇଥିଲା। ଉଦ୍‌ଯାପନୀ ଉତ୍ସବରେ ସୁରକ୍ଷା ପ୍ରଦର୍ଶନ, ବିଜ୍ଞାନ ପ୍ରଦର୍ଶନୀ ଏବଂ କର୍ମଚାରୀଙ୍କ ପିଲାମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏ ସମ୍ପର୍କରେ ଟିପିସିଓଡିଏଲ୍‌ର ସିଇଓ ଅରବିନ୍ଦ୍ ସିଂହ କହିଛନ୍ତି, ଟିପିସିଓଡିଏଲ୍‌ରେ ସୁରକ୍ଷା ଏକ ସାମୂହିକ ଦାୟିତ୍ୱ ହୋଇଥିଲାବେଳେ କର୍ମଚାରୀଙ୍କ ପରିବାରକୁ ଏଥିରେ ସାମିଲକରି ଉଭୟ କାର୍ଯ୍ୟସ୍ଥଳ ଏବଂ ଘରେ ଆମେ ସୁରକ୍ଷାକୁ ପ୍ରାଥମିକତା ଦେବାର ଏକ ସଂସ୍କୃତି ତିଆରି କରିବାକୁ ପ୍ରୟାସ କରୁଛୁ।

# ୨ ବଳାତ୍କାରୀଙ୍କୁ ଏନ୍‌କାଉଣ୍ଟର

## କୋର୍ଟ ଚାଲାଣ ବେଳେ ବନ୍ଧୁକ ଛଡ଼ାଇ ଫେରାର ହେଉଥିଲେ

ଝାରସୁଗୁଡ଼ା, ୧୨।୪
(ଆଶିଷ ରଞ୍ଜନ ଦାଶ)

ଝାରସୁଗୁଡ଼ା ଜିଲା ବେଲପାହାଡ଼ ଥାନା ଅଞ୍ଚଳର ଏକ ବଳାତ୍କାର ଘଟଣାରେ ଗିରଫ ହୋଇ କୋର୍ଟ ଚାଲାଣ ହେଉଥିବା ୨ଅଭିଯୁକ୍ତ ପୋଲିସ ବନ୍ଧୁକ ଛଡ଼ାଇ ପୋଲିସ ଉପରକୁ ଗୁଳି ଚଳାଇ ଫେରାର ହେଉଥିବାବେଳେ ଏନ୍‌କାଉଣ୍ଟରର ଶିକାର ହୋଇଛନ୍ତି। ଅଭିଯୁକ୍ତ ଶେଖ୍ ଆଶିଷ (୨୨) ଓ ଅଭିଷେକ ବାରିକ (୩୦)ଙ୍କ ୨ଗୋଡ଼ରେ ଗୁଳି ବାଜିଛି। ଆହତ ଅଭିଯୁକ୍ତଦ୍ୱୟଙ୍କୁ କାବୁ କରାଯାଇ ଝାରସୁଗୁଡା ମୁଖ୍ୟ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ପରେ ଉଭୟଙ୍କୁ ଡାକ୍ତରଖାନାରୁ ଡିସ୍‌ଚାର୍ଜ କରାଯାଇ ଝାରସୁଗୁଡା ସ୍ୱତନ୍ତ୍ର ପୋକ୍‌ସୋ କୋର୍ଟରେ ହାଜର କରାଯାଇଥିଲା। ସେଠାରେ ଜାମିନ ନାମଞ୍ଜୁର ହେବାରୁ ଉଭୟଙ୍କୁ ଜେଲ ହାଜତକୁ ପଠାଇ ଦିଆଯାଇଛି। ଅଭିଯୁକ୍ତଙ୍କ ଗୁଳିଚାଳନାରେ ଜଣେ ଏସ୍‌ଆଇ ଆହତ ହୋଇଛନ୍ତି ବୋଲି ଶନିବାର ଏକ ଖବରଦାତା ସମ୍ମିଳନୀରେ ଆଇଜିପି ହିମାଂଶୁ ଲାଲ ଏବଂ ଝାରସୁଗୁଡ଼ା ଆରକ୍ଷୀ ଅଧୀକ୍ଷକ ସ୍ମିତ ପି. ପରମାର ସୂଚନା ଦେଇଛନ୍ତି।




ପୋଲିସର ଏନ୍‌କାଉଣ୍ଟରରେ ଆହତ ୨ ଅଭିଯୁକ୍ତ।

ସୂଚନା ଅନୁସାରେ ବେଲପାହାଡ଼ ଥାନା ଅଞ୍ଚଳରେ ଗତ ଗୁରୁବାର ଜଣେ ୧୫ବର୍ଷୀୟା ନାବାଳିକାଙ୍କୁ ବଳାତ୍କାର କରାଯାଇଥିବା ପରିବାର ପକ୍ଷରୁ ଅଭିଯୋଗ କରାଯାଇଥିଲା। ପରେ ବେଲପାହାଡ଼ ପୋଲିସ ଶେଖ୍ ଆଶିଷ ଓ ଅଭିଷେକଙ୍କୁ ଗିରଫ କରି ନିଜ ହେପାଜତରେ ରଖିଥିଲା। ଶୁକ୍ରବାର ୨ଜଣଙ୍କ ବୟାନ ରେକର୍ଡ କରାଯାଇ ମେଡିକାଲ ପରୀକ୍ଷା କରାଯାଇଥିଲା। ଶନିବାର ସକାଳୁ ଉଭୟଙ୍କୁ କୋର୍ଟ ଚାଲାଣ ପାଇଁ ଏକ ଭ୍ୟାନ୍‌ରେ ଝାରସୁଗୁଡ଼ା ଅଣାଯାଉଥିଲା। ଏହି ସମୟରେ ବେଲପାହାଡ଼ଠାରୁ ଝାରସୁଗୁଡ଼ା ମଧ୍ୟରେ ଥିବା ବୁଢ଼ୁବୁଢ଼ିଆ ଜଙ୍ଗଲ ଛୁଆଲିବେର୍ଣ୍ଣା ନିକଟରେ ୨ ଅଭିଯୁକ୍ତ ପୋଲିସଠାରୁ ଗୋଟିଏ ବନ୍ଧୁକ ଛଡ଼ାଇ ନେଇଥିଲେ। ଏହି ସମୟରେ ପୋଲିସ ପକ୍ଷରୁ ଆତ୍ମସମର୍ପଣ କରିବା ପାଇଁ କୁହାଯାଇଥିଲା। କିନ୍ତୁ ସେମାନେ ନ ଶୁଣି ପୋଲିସ ଉପରକୁ ଗୁଳି ଚାଳନା କରିବାରୁ ପୋଲିସ ଆତ୍ମରକ୍ଷା ପାଇଁ ୩ ରାଉଣ୍ଡ ଗୁଳି ଚଳାଇଥିଲା। ୨ ଅଭିଯୁକ୍ତଙ୍କ ୨ ଗୋଡ଼ରେ ଗୋଟିଏ ଲେଖାଏ ଗୁଳି ବାଜିଥିବାବେଳେ ଗୋଟିଏ ବ୍ଲାଙ୍କ ଫାୟାର କରାଯାଇଥିବା ପୋଲିସ କହିଛି। ବଳାତ୍କାର ଶିକାର ନାବାଳିକା ଏବଂ ତାଙ୍କ ପରିବାରକୁ ମାମଲା ପ୍ରତ୍ୟାହାର ପାଇଁ ଅଭିଯୁକ୍ତ ଶେଖ୍ ଆଶିଷଙ୍କ ପରିବାର ଲୋକେ ଧମକ ଦେଉଥିଲେ। ଏ ନେଇ ବେଲପାହାଡ଼ ଥାନାରେ ଏକ ମାମଲା ରୁଜୁ ହୋଇଛି। ଶେଖ୍ ଆଶିଷଙ୍କ ନାମରେ ପୂର୍ବରୁ ୨ଟି ମାମଲା କୋର୍ଟରେ ବିଚାରାଧୀନ ରହିଥିବା ପୋଲିସ କହିଛି।

# ୨ଶ୍ରମିକଙ୍କ ମଧ୍ୟରେ ଗଣ୍ଡଗୋଳ, ଜଣେ ମୃତ

ରାଉରକେଲା, ୧୨।୪
(ସଙ୍ଗୀତା ଜେନା)

ରାଉରକେଲା ଉଦିତନଗର ଥାନା ଅନ୍ତର୍ଗତ ମାଲଗୋଦାମ ଅଞ୍ଚଳରେ ଶୁକ୍ରବାର ସନ୍ଧ୍ୟାରେ ଜଣେ ଶ୍ରମିକଙ୍କ ପେଚ୍‌କସ୍ ଆକ୍ରମଣରେ ଅନ୍ୟ ଜଣେ ଶ୍ରମିକଙ୍କ ମୃତ୍ୟୁ ଘଟିଛି। ମୃତକଙ୍କ ପରିଚୟ ମିଳିପାରି ନାହିଁ। ଖବର ଲେଖାହେବା ପର୍ଯ୍ୟନ୍ତ ଥାନାରେ କୌଣସି ମାମଲା ରୁଜୁ ହୋଇନାହିଁ। ମିଳିଥିବା ସୂଚନା ଅନୁଯାୟୀ, ଶନିବାର ୨ ଶ୍ରମିକଙ୍କ ମଧ୍ୟରେ କୌଣସି କଥାକୁ କେନ୍ଦ୍ର କରି ଝଗଡା ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଜଣେ ଶ୍ରମିକ ଅନ୍ୟ ଜଣଙ୍କୁ ପେଚ୍‌କସ୍‌ରେ ଆକ୍ରମଣ କରିଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ରାଉରକେଲା ସରକାରୀ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି। ମୃତଦେହ ମର୍ଗ ହାଉସରେ ରଖାଯାଇଛି।

# ଅବକାରୀ ବିଭାଗ ଗାଡ଼ିକୁ ଗୁଳିମାଡ଼



ଗିରଫ ଅଭିଯୁକ୍ତ।



ଜବତ ହୋଇଥିବା ଗୋରୁ।

- ଜଣେ ଗିରଫ, ୨ ଫେରାର
- ପିକ୍‌ଅପ୍ ଭ୍ୟାନ୍‌ରେ ହେଉଥିଲା ଗୋରୁ ଚାଲାଣ
- ଚୋରାମଦ ଚାଲାଣ ସନ୍ଦେହରେ ଗୋଡ଼ାଉଥିଲା ଅବକାରୀ ବିଭାଗ

ସୁନ୍ଦରଗଡ, ୧୨।୪
(ଜୟ ନାରାୟଣ ମେଣ୍ଟୁଲି)

ସୁନ୍ଦରଗଡ଼ ଜିଲା ଲେଫ୍ରିପଡ଼ା ଥାନା ଅନ୍ତର୍ଗତ ସରଫଗଡ଼-ମଶାବିରା ରାସ୍ତାରେ ଶନିବାର ଭୋର୍ ସମୟରେ ଅବକାରୀ ବିଭାଗର ଗାଡ଼ି ଉପରକୁ ଗୁଳିମାଡ଼ ହୋଇଛି। ଏହି ଘଟଣାରେ ପୋଲିସ ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତ ହେଲେ କୁତ୍ରା ଥାନା ଖତକୁର ବାହାଲର ଅବ୍ୟାଜ ଖାନ୍(୨୧)। ଅନ୍ୟ ୨ଜଣ ଫେରାର ହୋଇଯାଇଛନ୍ତି। ଅଭିଯୁକ୍ତଙ୍କ ନିକଟରୁ ପୋଲିସ ଏକ ଦେଶୀ ବନ୍ଧୁକ, ଗୋଟିଏ ମୋବାଇଲ ଫୋନ, ୨,୦୪୦ଟଙ୍କା ସହ ଗୋରୁ ବୋଝେଇ ପିକ୍ ଅପ ଭ୍ୟାନକୁ ଜବତ କରିଛି। ହେମଗିର ଅବକାରୀ ସବ୍ ଇନ୍ସପେକ୍ଟର ବୀରେନ୍ଦ୍ର ଲାକ୍ରାଙ୍କ ରିପୋର୍ଟ କ୍ରମେ ପୋଲିସ ଲେଫ୍ରିପଡ଼ା ଥାନାରେ ଭାରତୀୟ ଦଣ୍ଡବିଧି ସଂହିତାର ଦଫା ୩୦୩(୨), ୧୦୯/୩ (୫),୨୫/୨୭ ଆର୍ମ୍ସ ଆକ୍ଟ ଓ ପଶୁ ଚାଲାଣ ନିରୋଧି ଆଇନରେ ଏକ ମାମଲା(ନଂ. ୬୯/୨୦୨୫) ରୁଜୁ କରି ତଦନ୍ତ ଚଳାଇଛି। ଦୁର୍ବୃତ୍ତମାନେ ପ୍ରାୟ ୩ ରାଉଣ୍ଡ ଗୁଳି ଚାଳନା କରିଥିବା ଜଣାପଡ଼ିଛି।

ସଦର ଏସ୍‌ଡିପିଓ ନିର୍ମଳ କୁମାର ମହାପାତ୍ରଙ୍କ ସୂଚନା ମୁତାବକ, ପଡ଼ୋଶୀ ଛତିଶଗଡ଼ର ରାୟଗଡ଼ ଅଞ୍ଚଳରୁ ଏକ ପିକ୍‌ଅପ୍‌ରେ ଚୋରା ମହୁଲ ଓ ମଦ ଆସୁଥିବା ନେଇ ହେମଗିର ଅବକାରୀ ବିଭାଗକୁ ସୂଚନା ମିଳିଥିଲା। ସନ୍ଦେହରେ ଏକ ପିକ୍‌ଅପ୍ ଭ୍ୟାନକୁ ଅବକାରୀ ବିଭାଗ କର୍ମଚାରୀ ପିଛା କରିଥିଲେ। ପିକ୍‌ଅପ୍ ଭ୍ୟାନରେ ଥିବା ଦୁର୍ବୃତ୍ତମାନେ କର୍ମଚାରୀଙ୍କ ଗାଡ଼ିକୁ ୩ ରାଉଣ୍ଡ ଗୁଳିମାଡ଼ କରିଥିଲେ। ଅବକାରୀ ବିଭାଗ ଗାଡ଼ିରେ ଗୋଟିଏ ରାଉଣ୍ଡ ଗୁଳି ବାଜିଥିଲା। ପରେ ପିକ୍‌ଅପ୍ ଗାଡ଼ିକୁ ଅଟକାଇ ଯାଞ୍ଚ ବେଳେ ଗୋରୁ ଚାଲାଣ ହେଉଥିବା ଜଣାପଡ଼ିଥିଲା। ଲେଫ୍ରିପଡ଼ା ପୋଲିସ ସରଫଗଡ଼-ମଶାବିରା ରାସ୍ତାରେ ପିକ୍‌ଅପରେ ଥିବା ଜଣଙ୍କୁ ଧରିବାରେ ସକ୍ଷମ ହୋଇଥିବାବେଳେ ଅନ୍ୟ ୨ଜଣ ଫେରାର ହୋଇଯାଇଥିଲେ। ପିକ୍‌ଅପ ଭ୍ୟାନରେ ଥିବା ୯ ଗୋରୁଙ୍କୁ ଗୋ-ଶାଳାରେ ଛଡ଼ାଯିବ ବୋଲି ଥାନା ଆଇଆଇସି ଅଶୋକ କୁମାର ଦାସ ସୂଚନା ଦେଇଛନ୍ତି। ଏହି ଘଟଣାରେ ଅବକାରୀ ବିଭାଗର କୌଣସି କର୍ମଚାରୀଙ୍କ ଦେହରେ ଗୁଳି ବାଜି ନ ଥିବା ପୋଲିସ ପକ୍ଷରୁ କୁହାଯାଇଛି।

# ଦିନ ଦ୍ୱିପ୍ରହରରେ ରାସ୍ତାରେ ଯୁବକଙ୍କୁ ହତ୍ୟା, ୨ ଅଟକ

## ଟଙ୍କା କାରବାରକୁ କେନ୍ଦ୍ର କରି ହତ୍ୟାକାଣ୍ଡ ସନ୍ଦେହ

ବଲାଙ୍ଗୀର, ୧୨।୪
(ବୀରେନ୍ଦ୍ର କୁମାର ଝାଙ୍କର)

ବଲାଙ୍ଗୀର ସହର ଚିମିନିଭାଟିପଡ଼ା ରାସ୍ତା ମଝିରେ ଶନିବାର ଦିନ ଦ୍ୱିପ୍ରହରରେ ଜଣେ ଯୁବକଙ୍କୁ ହତ୍ୟା କରାଯାଇଛି। ମୃତ ଯୁବକ ଜଣକ ହେଲେ ଚିମିନିଭାଟି ପଡ଼ାର ରାମ ଦାସ (୪୦)। ସେ ଜଣେ ଟ୍ରକ୍ ଡ୍ରାଇଭର ବୋଲି ଚିହ୍ନଟ କରାଯାଇଛି। ତାଙ୍କୁ କେହି ଧାରୁଆ ଅସ୍ତ୍ରରେ ହତ୍ୟା କରି ଫେରାର ହୋଇଯାଇଛନ୍ତି। ସହରର ବିଟ୍ ରାସ୍ତାରେ ହତ୍ୟାକାଣ୍ଡ ଘଟିବା ପରେ ସ୍ଥାନୀୟ ଅଞ୍ଚଳରେ ଭୟର ବାତାବରଣ ଖେଳି ଯାଇଛି। ମୃତଦେହ ନିକଟରେ ଠେଙ୍ଗା ଓ ଏକ ବାଇକ୍ ପଡ଼ିଥିବା ଦେଖିବାକୁ ମିଳିଥିଲା। ପୋଲିସ ଏହି ଘଟଣାରେ ୨ ଜଣ ଯୁବକଙ୍କୁ ଅଟକ ରଖି ପଚରାଉଚରା କରୁଥିବା ଜଣାପଡ଼ିଛି। ଟଙ୍କା ନେଣଦେଣ କାରବାରକୁ କେନ୍ଦ୍ର କରି ଏହି ହତ୍ୟାକାଣ୍ଡ ଘଟିଥିବା ସନ୍ଦେହ କରାଯାଉଛି।

ମିଳିଥିବା ସୂଚନା ମୁତାବକ, ଶନିବାର ମଧ୍ୟାହ୍ନ ପ୍ରାୟ ୧୨ଟା ସମୟରେ ରାମ ଦାସ ଏକ ବାଇକ୍ ଯୋଗେ ଚିମିନିଭାଟି ପଡ଼ାକୁ ଫେରୁଥିଲେ। ତାଙ୍କୁ ଚିମିନିଭାଟି ପଡ଼ା ପ୍ରାଥମିକ ସ୍କୁଲ ନିକଟ ରାସ୍ତା ଉପରେ କେହି ଅଟକାଇ ଏକ ଧାରୁଆ ଅସ୍ତ୍ରରେ ହତ୍ୟା କରିଛନ୍ତି। ହତ୍ୟାରେ କିଏ ସମ୍ପୃକ୍ତ ତାହା ସ୍ପଷ୍ଟ ହୋଇନାହିଁ। ଖବର ପାଇ ଟାଉନ ଥାନା ପୋଲିସ ଓ ସାଇଣ୍ଟିଫିକ୍ ଟିମ୍ ଘଟଣାସ୍ଥଳକୁ ଯାଇ ଛାନ୍‌ଭିନ୍ କରିଥିଲେ। ପୋଲିସ ମୃତଦେହ ଜବତ କରିଛି। ହତ୍ୟାକାରୀ ଫେରାର ହୋଇଯାଇଥିବାରୁ ଘଟଣା ବିଷୟରେ କେବଳ ତଦନ୍ତ ଚାଲିଛି ବୋଲି ସଦର ଏସଡିପିଓ ସରୋଜ ଉପାଧ୍ୟାୟ କହିଛନ୍ତି। ସୂଚନାଯୋଗ୍ୟ, ଦୁଇଦିନ ତଳେ ସଦର ଥାନା ଅନ୍ତର୍ଗତ ସରଗାଡ ଗାଁ ବିଟ୍ ରାସ୍ତାରେ ଜଣେ ଯୁବକଙ୍କୁ ପିଟି ପିଟି ହତ୍ୟା କରାଯାଇଥିଲା। ଏହି ଘଟଣାରେ ଅଭିଯୁକ୍ତ ବାପପୁଅ ଗିରଫ ହୋଇଥିଲେ। ବଲାଙ୍ଗୀର ଜିଲାରେ ଦିନକୁ ଦିନ ଆପରାଧିକ କାର୍ଯ୍ୟକଳାପ ବୃଦ୍ଧି ପାଉଥିବାରୁ ଉଦ୍‌ବେଗ ପ୍ରକାଶ ପାଇଛି। ଏ ସଂକ୍ରାନ୍ତରେ ଗଣମାଧ୍ୟମ ପ୍ରତିନିଧିମାନେ ଏସପି ଅଭିଳାଷ ଜି.ଙ୍କୁ ପୋଲିସ କ’ଣ କରୁଛି ବୋଲି ପ୍ରଶ୍ନ କରିବାରୁ ପୋଲିସ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁଥିବା କହିଛନ୍ତି।

# ଗିରଫ ୩ ଆଇଆର୍‌ବି ଯବାନ ବହିଷ୍କୃତ

## ଗଞ୍ଜେଇ କାରବାର ମାମଲା

ବୌଦ୍ଧ, ୧୨।୪ (ଅଜିତ କୁମାର ବାରିକ)

ଗଞ୍ଜେଇ କାରବାର ମାମଲାରେ ସମ୍ପୃକ୍ତି ଥିବା ଅଭିଯୋଗରେ ବୌଦ୍ଧ ଜିଲା ଆଇଆର୍‌ବିର ୩ ଜଣ ଯବାନଙ୍କୁ ଗତ ୨୫ ତାରିଖରେ ଗିରଫ କରି କୋର୍ଟ ଚାଲାଣ କରାଯାଇଥିଲା। ଏହି ମାମଲାରେ ୩ ଜଣ ଆଇଆର୍‌ବି ଯବାନ କାର୍ଯ୍ୟରୁ ବହିଷ୍କୃତ ହୋଇଛନ୍ତି। ସେମାନେ ହେଲେ ମୟୂରଭଞ୍ଜ ଜିଲା ବାରିପଦା ଥାନା ଭୁଲାଦରଧାନଗରର କୁନାର ସିଂ, ବୌଦ୍ଧ ଜିଲା ଘଣ୍ଟାପଡ଼ା ଥାନା ଆମ୍ବଗାଁର ତ୍ରିଲୋଚନ ରଣ ଓ ସମ୍ବଲପୁର ଜିଲା ରେଢ଼ାଖୋଲ ଥାନା ଘସରମାଲ ଗ୍ରାମର ନିଲମ ବାର୍ଲା। ବର୍ତ୍ତମାନ ବହିଷ୍କୃତ ଯବାନମାନେ ଜେଲରେ ଥିବା ଜଣାପଡ଼ିଛି।

ପ୍ରକାଶ ଯେ, ଆଣ୍ଟି ନକ୍ସଲ ଅପରେଶନ ପାଇଁ କନ୍ଧମାଳ ବ୍ଲକ ମନମୁଣ୍ଡା ଥାନାରେ ଏକ ପ୍ଲାଟୁନ ଆଇଆର୍‌ବି ଯବାନ ନିୟୋଜିତ ଥିଲେ। ସେମାନଙ୍କ ମଧ୍ୟରୁ କେତେଜଣ ଯବାନ ଗଞ୍ଜେଇ ରଖିଥିବା ନେଇ ବୌଦ୍ଧ ଆରକ୍ଷୀ ଅଧୀକ୍ଷକ ରାହୁଲ ଗୋଏଲ ଜାଣିବାକୁପାଇଥିଲେ। ଏହାକୁ ଗୁରୁତର ସହ ନେଇ ବୌଦ୍ଧ ଆରକ୍ଷୀ ଅଧୀକ୍ଷକ ଗୋଏଲ ଗତ ୨୪ ତାରିଖରେ ଏକ ସ୍ୱତନ୍ତ୍ର ଟିମ୍ କରି ମନମୁଣ୍ଡା ଥାନାରେ ଚଢ଼ାଉ କରିଥିଲେ। ଚଢ଼ାଉ ବେଳେ ଯବାନମାନଙ୍କଠାରୁ ୧୫କେଜି ୯୩୦ ଗ୍ରାମ ଗଞ୍ଜେଇ ଜବତ କରାଯାଇଥିଲା। ଏ ନେଇ ମନମୁଣ୍ଡା ଥାନରେ ନଂ.୧୧୯/୨୫ରେ ମାମଲା ରୁଜୁ କରାଯାଇ ୩ ଆଇଆର୍‌ବି ଯବାନଙ୍କୁ କୋର୍ଟ ଚାଲାଣ କରାଯାଇଥିଲା। ଏ ସମ୍ପର୍କରେ ବୌଦ୍ଧ ଆଇଆର୍‌ବି କମାଣ୍ଡାଣ୍ଟ ମନରଞ୍ଜନ ବିଶ୍ୱାଳଙ୍କୁ ପଚାରିବାରୁ ଗତ ୪ ତାରିଖଠାରୁ ୩ ଯବାନଙ୍କୁ ବହିଷ୍କୃତ କରାଯାଇଥିବା ସୂଚନା ଦେଇଥିଲେ।

# କିନ୍ନରଙ୍କ ଝୁଲନ୍ତା ମୃତଦେହ ଜବତ

## ଦଣ୍ଡନାଚ ଦଳରୁ ହଠାତ୍ ନିଖୋଜ ହୋଇଯାଇଥିଲେ

ଦିଗପହଣ୍ଡି, ୧୨।୪
(ଅଶେଷ ନାଥ ମିଶ୍ର)

ଗଞ୍ଜାମ ଜିଲା ଦିଗପହଣ୍ଡି ବ୍ଲକ ଫାସିଗୁଡ଼ା ଗ୍ରାମର କୁଲୁ ବିଷୋୟୀଙ୍କ ଘରୁ ଶନିବାର ସକାଳେ ସନ୍ଦେହଜନକ ଅବସ୍ଥାରେ ଜଣେ କିନ୍ନରଙ୍କ ମୃତଦେହ ଜବତ ହୋଇଛି। ମୃତକ ହେଲେ ଦିଗପହଣ୍ଡି ବ୍ଲକ କୋଟିନଡ଼ା ଗ୍ରାମର ଅଜିତ ବିଷୋୟୀ(୩୨)। ଶୁକ୍ରବାର ରାତିରେ ଦିଗପହଣ୍ଡିର ଦଣ୍ଡନାଚ ଦଳ ଗ୍ରାମରେ ନାଚ ପରିବେଷଣ କରିଥିଲେ। ଉକ୍ତ ନାଚ ଦଳରେ ଅଜିତ ଚିତ୍ତାକର୍ଷକ ଅଭିନୟ କରୁଥିଲେ। ତେବେ ଶୁକ୍ରବାର ସନ୍ଧ୍ୟାରେ କୌଣସି କାରଣକୁ ନେଇ ଦଣ୍ଡନାଚ ଦଳର କିଛି ସହକର୍ମୀଙ୍କ ସହ ତାଙ୍କର ଯୁକ୍ତିତର୍କ ହୋଇଥିଲା। ରାତିରେ ପ୍ରସାଦ ସେବନ ପରେ ଅଜିତ ଆକସ୍ମିକ ଭାବେ ନିଖୋଜ ହୋଇ ଯାଇଥିଲେ। ଦଣ୍ଡନାଚ ଦଳର ଅଭିନେତ୍ରୀ ଅଭିନେତାମାନେ ରହିଥିବା ଘରର ମାଲିକ କୁଲୁ ତାଙ୍କ ସାଇକେଲ ଆଣିବାକୁ ଶନିବାର ସକାଳେ ଯାଇଥିବା ବେଳେ ଅଜିତଙ୍କ ମୃତଦେହ ଘର ମଧ୍ୟରେ ଝୁଲୁଥିବା ଅବସ୍ଥାରେ ଦେଖିଥିଲେ। ସେ ଏନେଇ ଗ୍ରାମବାସୀଙ୍କୁ ଖବର ଦେଇଥିଲେ। ଦଣ୍ଡନାଚ ଅନୁଷ୍ଠାନର ମ୍ୟାନେଜର ଗୁଣନିଧି ପାଣିଗ୍ରାହୀ ଦିଗପହଣ୍ଡି ଥାନାରେ ଏନେଇ ଏତଲା ଦେବା ପରେ ଆଇଆଇସି ପ୍ରଶାନ୍ତ ପାତ୍ର ଟିମ୍ ସହ ପହଞ୍ଚି ମୃତଦେହ ଜବତ କରିଥିଲେ। ଏନେଇ ଏକ ଅପମୃତ୍ୟୁ ମାମଲା (ନଂ.୭/୨୫) ରୁଜୁ ହୋଇଛି। ମୃତଦେହ ବ୍ୟବଚ୍ଛେଦ ପାଇଁ ବ୍ରହ୍ମପୁର ବଡ଼ ଡାକ୍ତରଖାନାକୁ ପଠାଯାଇଛି। ବ୍ୟବଚ୍ଛେଦ ପରେ ମୃତଦେହ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଥିଲା। ବ୍ୟବଚ୍ଛେଦ ରିପୋର୍ଟ ମିଳିବା ପରେ ମୃତ୍ୟୁର ପ୍ରକୃତ କାରଣ ଜଣାପଡ଼ିବ ବୋଲି ଆଇଆଇସି ପାତ୍ର କହିଛନ୍ତି।



ଅଜିତ ବିଷୋୟୀ

# ଗୁଜରାଟରୁ ଦୁଇ ସାଇବର ଠକ ଗିରଫ

## ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ କୁଳପତିଙ୍କୁ ୧୪ ଲକ୍ଷ ଠକେଇ ଘଟଣା

ବ୍ରହ୍ମପୁର, ୧୨।୪: (ସୁବାସ ପାଢ଼ୀ)

ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶଙ୍କୁ ଗତ ଫେବୃଆରୀ ମାସରେ ଡିଜିଟାଲ ଆରେଷ୍ଟ ଭୟ ଦେଖାଇ ସାଇବର ଗ୍ୟାଙ୍ଗ ୧୪ ଲକ୍ଷ ଟଙ୍କା ନେଇଯାଇଥିଲେ। ଏନେଇ କୁଳପତିଙ୍କ ଅଭିଯୋଗକ୍ରମେ ବ୍ରହ୍ମପୁର ଏସ୍‌ପିଙ୍କ ତତ୍ତ୍ୱାବଧାନରେ ଏକ ଟିମ୍ ଗଠନ କରାଯାଇଥିଲା। ଏହି ଟିମ୍ ଉକ୍ତ ଠକେଇର ଚେର ଗୁଜୁରାଟଯାଏ ଲମ୍ବିଥିବା ଏବଂ ଠକମାନେ ସେଠାରେ ଥିବା ସୂଚନା ପାଇବା ପରେ ଏସ୍‌ଆଇ ଜ୍ୟୋତି ରଞ୍ଜନ ବେହେରାଙ୍କ ନେତୃତ୍ୱରେ ପୋଲିସ ଟିମ୍ ଗୁଜୁରାଟ ଯାଇ ତଦନ୍ତ କରି ଗୁଜୁରାଟର ନିଲମବାଗ ଥାନା ଅନ୍ତର୍ଗତ ଭାବାନଗରରୁ ଦୁଇଜଣ ଯୁବକଙ୍କୁ ଗିରଫ କରିଛି। ସେମାନେ ହେଲେ ଭୂତେୟା ଜେନିଲ ଜୟସୁଖଭାଇ (୨୩) ଓ ବିଶ୍ୱଜିତସିନା ଗୋହିଲ(୨୧)। ବ୍ରହ୍ମପୁର ସାଇବର ଓ ଅର୍ଥନୈତିକ ଶାଖା ମାମଲା ନଂ.୧୫/୨୫ରେ ଉଭୟଙ୍କୁ ସେଠାରୁ ସ୍ଥାନୀୟ ପୋଲିସ ସହାୟତାରେ ଟିମ୍ ଗିରଫ କରିଥିବା ଜଣାପଡିଛି। ସେଠାକାର ଭାବାନଗର ମୁଖ୍ୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ(ସିଜେଏମ୍)ଙ୍କ କୋର୍ଟରେ ହାଜର କରି ଟ୍ରାଞ୍ଜିଟ ରିମାଣ୍ଡରେ ଉଭୟ ଅଭିଯୁକ୍ତଙ୍କୁ ବ୍ରହ୍ମପୁର ଅଣାଯାଇଥିଲା। ପୋଲିସ ଅଭିଯୁକ୍ତଙ୍କ ନିକଟରୁ ଘଟଣା ବେଳେ ସାଇବର ଅପରାଧରେ ବ୍ୟବହୃତ ବିଭିନ୍ନ ମେଶିନ, ମୋବାଇଲ, ସିମ୍ କାର୍ଡ, ଆଧାର କାର୍ଡ ଜବତ କରିଥିବା ଶନିବାର ଏସ୍‌ପି ଡା. ସର୍ବଣା ବିବେକ ଏମ୍. ଏକ ପ୍ରେସ୍‌ନୋଟ ଜରିଆରେ ସୂଚନା ଦେଇଛନ୍ତି।

# ବେଆଇନ ବେଟିଂ ମାମଲା: ମାଷ୍ଟରମାଇଣ୍ଡ ଗିରଫ

ବଲାଙ୍ଗୀର, ୧୨।୪
(ବୀରେନ୍ଦ୍ର କୁମାର ଝାଙ୍କର)

୨ବର୍ଷରୁ ଉର୍ଦ୍ଧ୍ୱ ହେବ ୱେବ୍ ସାଇଟ୍‌ରେ ବେଆଇନ ବେଟିଂ, ରମି ଏବଂ ଅନ୍‌ଲାଇନ ଗେମ୍(ଜୁଆଖେଳ) ଚଳାଇଥିବା ଜଣେ ଯୁବକଙ୍କୁ ବଲାଙ୍ଗୀର ସାଇବର ଥାନା ପୋଲିସ ଟିମ୍ ଶନିବାର ଗିରଫ କରିଛି। ଗିରଫ ଅଭିଯୁକ୍ତ ଜଣକ ହେଉଛନ୍ତି ସଇଁତଲା ଥାନା ଅନ୍ତର୍ଗତ ପାଇକ୍‌ସମରା ଗାଁର ଲକ୍ଷେଶ୍ୱର ମଲ୍ଲିକ(୨୭)। ସାଇବର ଟିମ୍ ଗିରଫ ଅଭିଯୁକ୍ତଙ୍କ ଠାରୁ ୭ ଲକ୍ଷ ୫ ହଜାର ନଗଦ ଟଙ୍କା, ତିନୋଟି ଦାମୀ ବାଇକ୍, ଗୋଟିଏ ମହିନ୍ଦ୍ରା ଥର୍ ଗାଡ଼ି ଏବଂ ଏକ ବୋଲେରୋ ପିକ୍‌ଅପ୍ ଗାଡି, ୧୪ଟି ଦାମୀ ମୋବାଇଲ ଫୋନ୍, ୪ଟି ଲାପ୍‌ଟପ୍, ୨ଟି ସ୍ୱାଇପ୍ ଏବଂ ପିଓଏସ୍ ମେଶିନ, ବିଭିନ୍ନ ବ୍ୟାଙ୍କର ଏକାଧିକ ପାସ୍‌ବୁକ୍, ଏଟିଏମ୍ କାର୍ଡ ଜବତ କରିଛି। ଏହାସହ ଅଭିଯୁକ୍ତଙ୍କ ୨୫ ଲକ୍ଷ ଟଙ୍କାର ଏକ ବ୍ୟାଙ୍କ ଆକାଉଣ୍ଟକୁ ପୋଲିସ ଫ୍ରିଜ୍ କରିଦେଇଥିବା ବଲାଙ୍ଗୀର ଏସ୍‌ପି ଅଭିଲାଷ ଜି. ସୂଚନା ଦେଇଛନ୍ତି। ଅଭିଯୁକ୍ତ ଜଣକ ଭିଆଇପି ରମି ଆପ୍ ଡଟ୍ କମ୍ ନାଁରେ ଏକ ବେଆଇନ ୱେବ୍ ଡୋମେନ୍‌ରେ ପ୍ରାୟ ୫୦ରୁ ୬୦ଟି ଅନ୍‌ଲାଇନ୍ ଗେମିଂ ଆପ୍ ଖୋଲି ଏହି ବେଆଇନ କାର୍ଯ୍ୟ ଚଳାଇଥିଲେ।

# ସହକାରୀ ନିର୍ବାହୀ ଯନ୍ତ୍ରୀ ଗିରଫ

- ୧୮ ଲକ୍ଷ ୧୧ ହଜାର ଟଙ୍କା ଜବତ
- ବିଭିନ୍ନ ସ୍ଥାନରୁ ଫ୍ଲାଟ୍, ପ୍ଲଟ୍ ଠାବ

ଜୟପୁର/ମାଲକାନଗିରି/ ଆସିକା, ୧୨।୪(ପବନ ପାଣିଗ୍ରାହୀ/ ଦୁର୍ଯ୍ୟୋଧନ ପାତ୍ର/ ସୁରେନ୍ଦ୍ର ନାଥ ସାହୁ)

ମାଲକାନଗିରି ଜିଲା ଚିତ୍ରୋକୋଣ୍ଡା ବ୍ଲକ୍ ସହକାରୀ ନିର୍ବାହୀ ଯନ୍ତ୍ରୀ ପବିତ୍ର ମୋହନ ପାଣିଗ୍ରାହୀ ଟଙ୍କା ନେଇ ଭୁବନେଶ୍ୱର ଯାଉଥିବା ବେଳେ ଜୟପୁର ଭିଜିଲାନ୍ସ ଟିମ୍ ତାଙ୍କୁ ଧରିଥିଲା। ଶୁକ୍ରବାର ତାଙ୍କୁ ଅଟକ ରଖି ପଚରାଉଚରା ପରେ ଶନିବାର ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଛି। ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ତାଙ୍କ ଜାମିନ ଆବେଦନ ସ୍ଥଗିତ ରଖାଯାଇଛି। ଆଗାମୀ ୧୪ ଦିନ ପରେ ଏହାର ଶୁଣାଣି କରାଯିବାକୁ ଥିବା ବେଳେ ଯନ୍ତ୍ରୀ ପାଣିଗ୍ରାହୀଙ୍କୁ ବିଚାର ବିଭାଗୀୟ ହାଜତକୁ ପଠାଯାଇଛି।

ସୂଚନା ଅନୁଯାୟୀ, ଚିତ୍ରକୋଣ୍ଡା ବ୍ଲକ୍‌ର ସହକାରୀ ନିର୍ବାହୀ ଯନ୍ତ୍ରୀ ପାଣିଗ୍ରାହୀ ଶୁକ୍ରବାର ତାଙ୍କର ଜଣେ ସହଯୋଗୀ କନିଷ୍ଠ ଯନ୍ତ୍ରୀ ଜଗନ୍ନାଥ ବେହେରାଙ୍କ ସହ କାର(ଓଡି-୩୦ଇ-୩୦୯୬)ଯୋଗେ ଭୁବନେଶ୍ୱର ଯାଉଥିବା ବେଳେ ଭିଜିଲାନ୍ସ ବିଭାଗ ଅଧିକାରୀମାନେ ପୂର୍ବ ସୂଚନା ଅନୁଯାୟୀ ମାଲକାନଗିରି ଜିଲା ଗୋବିନ୍ଦପାଲ୍ଲୀ ଛକରେ କାରକୁ ଅଟକାଇ ଯାଞ୍ଚ କରିଥିଲେ। କାର ଭିତରୁ ନୋଟ୍ ଭର୍ତ୍ତି ହୋଇ ରହିଥିବା ଏକ ବ୍ୟାଗକୁ ଜବତ କରିଥିଲେ। କିନ୍ତୁ ସନ୍ଧ୍ୟା ଯୋଗୁ ଭିଜିଲାନ୍ସ ଅଧିକାରୀମାନେ ଜୟପୁରସ୍ଥିତ ଭିଜିଲାନ୍ସ ଏସ୍‌ପି କାର୍ଯ୍ୟାଳୟକୁ ଟଙ୍କା ଭର୍ତ୍ତି ବ୍ୟାଗକୁ ଆଣିଥିଲେ। ସେଥିରେ ୫ ଲକ୍ଷ ୭ ହଜାର ଟଙ୍କା ଥିବା ଗଣତିରୁ ଜଣାପଡ଼ିଥିଲା। ଏତେ ପରିମାଣର ଟଙ୍କା କେଉଁଠାରୁ ଆସିଲା ନେଇ ଅଧିକାରୀଙ୍କ ପ୍ରଶ୍ନର କୌଣସି ସନ୍ତୋଷମୂଳକ ଉତ୍ତର ଯନ୍ତ୍ରୀ ପାଣିଗ୍ରାହୀ ଦେଇପାରିନଥିବାରୁ ତାଙ୍କୁ ପଚରାଉଚରା ଜାରି ରଖାଯାଇଥିଲା। ଏଥିସହ ଚିତ୍ରକୋଣ୍ଡାସ୍ଥିତ ତାଙ୍କ ବାସଭବନ ଓ ଭୁବନେଶ୍ୱର ଚନ୍ଦ୍ରଶେଖରପୁର ଥାନା ଅଧୀନ ଡମଣାସ୍ଥିତ ନନ୍ଦାଦେବୀ ଆପାର୍ଟମେଣ୍ଟରେ ଥିବା ତାଙ୍କ ବାସଭବନ, ଆସିକା ତାଲୁକାସ୍ଥିତ ପୈତୃକ ବାସଭବନ ଉପରେ ଚଢାଉ କରାଯାଇଥିଲା। ଭୁବନେଶ୍ୱର ବାସଭବନରୁ ୧୩ ଲକ୍ଷ ୪ହଜାର ୨ଶହ ଟଙ୍କା ଏହିପରି ମୋଟ ୧୮ଲକ୍ଷ ୧୧ ହଜାର ୨ଶହ ଟଙ୍କା ଜବତ କରାଯାଇଛି। ଏହି ଟିମ୍ ପୈତୃକ ବାସଭବନ ଓ ତତ୍‌ସଂଲଗ୍ନ ସ୍ଥାବର ସମ୍ପତ୍ତି ମାପଚୁପ କରି ମୂଲ୍ୟ ଆକଳନ କରିଥିବା ଜଣାପଡ଼ିଛି। ସେହିପରି ଭୁବନେଶ୍ୱରରେ ୧୫୦୦ ବର୍ଗଫୁଟର ବାସଗୃହ, ରାଜଧାନୀର ବିଭିନ୍ନ ଅଞ୍ଚଳରେ ୨ଟି, ବରଗଡରେ ଗୋଟିଏ ଏବଂ ଗଞ୍ଜାମ ଜିଲା ଆସିକାରେ ପ୍ଲଟ୍ ରହିଛି। ଯନ୍ତ୍ରୀଙ୍କ ନିକଟରେ ୨୭୦ ଗ୍ରାମ ଓଜନର ସୁନାଗହଣା, ଗୋଟିଏ କାର, ୭୨ଲକ୍ଷ ୨୦ ହଜାର ଟଙ୍କାର ଜୀବନବୀମା ଥିବା ଯାଞ୍ଚରୁ ଜଣାପଡିଛି। ତାଙ୍କ ସହିତ କାରରେ ଯାଉଥିବା କନିଷ୍ଠ ଯନ୍ତ୍ରୀ ବେହେରାଙ୍କ କୌଣସି ସମ୍ପୃକ୍ତି ନ ଥିବାରୁ ଭିଜିଲାନ୍ସ ଟିମ୍ ତାଙ୍କୁ ଛାଡ଼ି ଦେଇଛି।

# ୪ କୋଇଲା ଚୋରା ଚାଲାଣକାରୀ ଗିରଫ

ସୁନ୍ଦରଗଡ଼, ୧୨।୪(ଜୟ ନାରାୟଣ ମେଣ୍ଟୁଲି)

ସୁନ୍ଦରଗଡ଼ ଜିଲା ହେମଗିର ତହସିଲ ଅଞ୍ଚଳରେ ଥିବା ବିଭିନ୍ନ ଜଙ୍ଗଲରେ ଚୋରା କୋଇଲା ଖଣି ଠାବ ପରେ ପୋଲିସ ବିଭାଗ ପକ୍ଷରୁ ବ୍ୟାପକ ଧରପଗଡ଼ ଆରମ୍ଭ ହୋଇଛି। ଶୁକ୍ରବାର ରାତିରେ ଗୋପାଳପୁର ଜଙ୍ଗଲରୁ କୋଇଲା ଚାଲାଣ ପାଇଁ ଯାଇଥିବା ବେଳେ ହେମଗିର ଥାନା ପୋଲିସ ୨ଟି ଟ୍ରାକ୍ଟର ଓ ଗୋଟିଏ ବାଇକକୁ ଜବତ କରିଛି। ଏହି ଘଟଣାରେ ପୋଲିସ ୪ଜଣଙ୍କୁ ଗିରଫ କରି ଶନିବାର କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ରତନସରା ଗ୍ରାମର ସମୀର ଦଣ୍ଡସେନା(୨୫), ରତନପୁରର ଗେଲାନନ୍ଦ ମାଝୀ(୨୫), ଝୁପୁରୁଙ୍ଗା ଗ୍ରାମର ହେମାନନ୍ଦ ସେଠ ଓରଫ ବିଜୁ(୨୫) ଓ ଗୋପାଳପୁରର ଆଲୋକ ସିଂ(୨୫)। ଏନେଇ ହେମଗିର ଥାନାରେ କେସ୍ ନଂ. ୧୩୧/୨୫ରେ ଏକ ମାମଲା ରୁଜୁ ହୋଇଥିବା ସଦର ଏସ୍‌ଡିପିଓ ନିର୍ମଳ କୁମାର ମହାପାତ୍ର ସୂଚନା ଦେଇଛନ୍ତି।


**OFFICE OF THE PRINCIPAL**
**EKAMRA COLLEGE**
BHUBANESWAR- 751002, Ph:2592343 (Off)
No.437/25 Date:11.4.25
**EKAMRA COLLEGE,BHUBANESWAR**
**QUOTATION CALL NOTICE**
**No.N-08:** Sealed quotations are invited from GST registered firms/ Agencies on or before 30.04.2025 to supply Desktop Computers, UPS System, Multifunction Printers (MFM), LED TV (65 inch), wireless mice, cameras for virtual meetings and internet facilities, etc. under Govt. of Odisha upgrading IT infrastructure fund. For details log on to **www.ekamracollege.edu.in.**
Sd./- Principal,
Ekamra College, Bhubaneswar-2
OIPR-11171/11/0001/2526

idco Your power to grow ISO 9001 & 14001 Corporation | ODISHA NEW OPPORTUNITIES
No.CAD-107
**OFFICE OF THE DIVISIONAL HEAD, IDCO**
**IDCO BALASORE DIVISION**
Tender Call Notice No.
BLS/CIV/EST/3846/ 550, dated: 04.04.2025
**NOTICE INVITING TENDER UNDER NATIONAL COMPETITIVE BIDDING THROUGH e-PROCUREMENT**

1. **Name of the Work:** Construction of shed for housing of 750 Kva, 3.3 Kv DG Set with other equipments at Intake Well of river Budhabalanga at Balasore.
2. **Value of the work:** Rs.10.73 Lakhs
3. **Period of Completion:** 02 (Two) Calendar Months
4. **Other details :**

| Procurement Officer | Tender Reference No. | Availability of Tender Online for Bidding | |
|---|---|---|---|
| 1 | 2 | 3 | 4 |
| Divisional Head, Balasore Division, IDCO, Balasore | BLS/CIV/EST-01/2025-26 | 15.04.2025 at 17.00 Hrs. | 25.04.2025 upto 17.00 Hrs. |

Further details can be seen from the e-Procurement Portal **www.tendersodisha.gov.in** and Corrigendum if any will not be published in newspapers and can only be seen in the e-Procurement portal **www.tendersodisha.gov.in** and **www.idco.in.**
Sd./- Divisional Head
IDCO, Balasore
OIPR-04075/11/0001/2526

**OFFICE OF THE EXECUTIVE ENGINEER, R.W.S&S DIVISION, SAMBALPUR**
Brooks Hill, Infront of VSS Stadium Main Gate, Pin-768001
e-mail ID: eerwsssbp@gmail.com
**SHORT QUOTATION CALL NOTICE No.02/2025-26**
**No.O-47:** Sealed Quotations are invited from interested reputed Travel Agencies/ Tour Operators/ Private individuals having valid GST and PAN Card for providing one number of AC diesel/ petrol driven vehicle BS-VI compliant having seating capacity not less than five including Driver (which shall confirm to the terms & conditions of the quotation call notice) for official use of the following offices for inspection of the official work on monthly rent basis.

| Sl. No. | Name of the Work | Type of Vehicle | Fuel Used | Required No. |
|---|---|---|---|---|
| 1 | Hiring of one private vehicle for official use of Asst. Executive Engineer, RWS&S Sub-Division, Rairakhol for the year 2025-26 (From 01.05.2025 to 31.03.2026) | TUV 300/ Bolero/ Ertiga/ Sumo Gold | Diesel | 01 (One) |
| 2 | Hiring of one private vehicle for official use of Asst. Executive Engineer, RWS&S Sub-Division, Kuchinda for the year 2025-26 (From 01.05.2025 to 31.03.2026) | -do- | Diesel | 01 (One) |
| 3 | Hiring of one private vehicle for official use of Addl. Chief Engineer, RWS&S Circle, Sambalpur for the year 2025-26 (From 01.05.2025 to 31.03.2026) | -do- | Diesel | 01 (One) |

| Cost of Quotation Document (Non-refundable) | Sale of Quotation Document | | Last Date of Drop of Quotation | Opening of Quotation |
|---|---|---|---|---|
| | From | To | | |
| Rs.1000/- (One thousand) (Cash/DD By Hand) per each work, Rs.1000/- (One thousand) (DD) (In case of download of document) per each work | 16.04.2025 At 07.00 AM | 25.04.2025 Upto 01.00 PM | 25.04.2025 Upto 01.00 PM | 28.04.2025 At 09.30 AM |

Further details can be seen from the DQCN.
Sd./- Executive Engineer
RWS&S Division, Sambalpur
OIPR-25015/11/0005/2526

GOVERNMENT OF ODISHA, DEPARTMENT OF WATER RESOURCES
**OFFICE OF THE ENGINEER-IN-CHIEF, WATER RESOURCES, SECHA SADAN, BHUBANESWAR**
No.A-35 Email Address:cemech.eicwr.od@gmail.com
**e-Procurement Notice**
**Bid Identification No.CEM/MDC-01/2025-26**

1. Name of the Work : Mechanical Gate Works
2. No. of Works : 01 (One)
3. Category of Executors : SSI Units registered under DIC/ NSIC/MSME for Irrigation Shutters/ Hydro mechanical gates.
4. Bid Identification No. : CEM/MDC-01/2025-26
5. Estimated Cost : Rs.47,51,250.00
6. Period of Completion : 03 (Three) Calendar Months
7. Date & Time of availability of bid documents in the portal : From dt.16.04.2025 (10.00 AM) to Dt.29.04.2025 (5.30 PM)
8. Last date/time for receipt of bid in the portal : Dt.29.04.2025 (upto 5.30 PM)
9. Date and Place of opening of Technical Bid : Dt.30.04.2025 (12.00 Noon onwards in the O/o the undersigned)
10. Date and Place of opening Financial Bid : To be intimated to the qualified Bidders after evaluation of Technical Bid
11. Name of the Officer Inviting Bid : Chief Engineer, Mechanical, O/o the E.I.C.,Water Resources, Odisha Bhubaneswar.

Further details can be seen from the e-procurement portal **https://tendersodisha.gov.in.** Any further issue of Addenda/Corrigenda/ Cancellation Notice shall be uploaded in the aforesaid website only.
Sd./- Chief Engineer, Mechanical
O/o. Engineer-in-Chief,
Secha Sadan, Bhubaneswar
OIPR-32520/11/0033/2526

## ଜନ୍ମଦିନର ଶୁଭେଚ୍ଛା

ନାମ: ..................................
ବୟସ:..................................
ଜନ୍ମ ତାରିଖ: ..................................



ଗୁନ୍‌ଗୁନ୍
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


# ଦାୟିତ୍ୱ ଗ୍ରହଣ କଲେ ସମୀର



ଓଡ଼ିଶା ଅଲିମ୍ପିକ୍ ଆସୋସିଏଶନ କର୍ମକର୍ତ୍ତାଙ୍କ ଗହଣରେ ସମୀର ମହାନ୍ତି।

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**

ଓଡ଼ିଶା ଅଲିମ୍ପିକ୍ ଆସୋସିଏଶନ (ଓଓଏ)ର ନବ ନିର୍ବାଚିତ ସଭାପତି ସମୀର ମହାନ୍ତି ଶନିବାର କଟକସ୍ଥିତ ଆସୋସିଏଶନ ମୁଖ୍ୟାଳୟରେ ଦାୟିତ୍ୱ ଗ୍ରହଣ କରିଛନ୍ତି। ପରେ ସେ ଆସୋସିଏଶନର ଅଧିକାରୀ ଓ କର୍ମଚାରୀଙ୍କ ସହ ଭାବ ବିନିମୟ କରିଛନ୍ତି। ''ଉନ୍ନତ ଭିତ୍ତିଭୂମି ସୃଷ୍ଟି କରିବା ସହ ରାଜ୍ୟର ସ୍ପୋର୍ଟ୍ସ ଇକୋ ସିଷ୍ଟମକୁ ଦୃଢ଼ କରିବା ଉପରେ ଫୋକସ ରହିବ। ଆଥ୍‌ଲେଟ୍‌ମାନେ ଯେପରି କ୍ୱାଲିଟି ଟ୍ରେନିଂ ପାଇ ବିଭିନ୍ନ କ୍ରୀଡ଼ା ଇଭେଣ୍ଟରେ ନିଜର ପ୍ରତିଭା ପ୍ରଦର୍ଶନର ସୁଯୋଗ ପାଇପାରିବେ ତା' ଉପରେ ଗୁରୁତ୍ୱ ଦିଆଯିବ'' ବୋଲି ସମୀର ପ୍ରକାଶ କରିଛନ୍ତି। ଏହି ଅବସରରେ ଓଓଏ ସମ୍ପାଦକ ଅଭିଜିତ ପାଲ ଓ ଅନ୍ୟ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।

# ଭାରତରୁ ଖେଳିବେ କିଟ୍‌ର ୪ ଖେଳାଳି

## ୱାର୍ଲ୍ଡ ୟୁନିଭର୍ସିଟି ଗେମ୍ସ

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**

ଜର୍ମାନୀର ରିନେ-ରୁହରଠାରେ ଜୁଲାଇ ୧୬ରୁ ୨୭ ପର୍ଯ୍ୟନ୍ତ ଏଫ୍‌ଆଇଏସ୍‌ୟୁ ୱାର୍ଲ୍ଡ ୟୁନିଭର୍ସିଟି ଗେମ୍ସ ଅନୁଷ୍ଠିତ ହେବ। ଏଥିରେ ଭାରତ ପକ୍ଷରୁ ଅଂଶଗ୍ରହଣ କରିବା ପାଇଁ କିଟ୍‌ର ୪ ଖେଳାଳି ମନୋନୀତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ କବିର ହଂସ, ଅଥର୍ବ ଶର୍ମା ଇଣ୍ଡିଆନ ୟୁନିଭର୍ସିଟି ଲନ୍ ଟେନିସ (ପୁରୁଷ) ଏବଂ ଅନନ୍ୟା ସିଂ ଓ ଗମିତ ମିନାଲ ମହିଳା ଭଲିବଲ ଦଳରେ ସାମିଲ ହୋଇଛନ୍ତି। କିଟ୍ ବହୁମୁଖୀ ଇନ୍‌ଡୋର ଷ୍ଟାଡିୟମରେ ମହିଳା ଭଲିବଲର ଚୟନ ଟ୍ରାଏଲ୍ସ ଅନୁଷ୍ଠିତ ହୋଇଥିଲା। ସେହିପରି ଲନ୍ ଟେନିସ ଚୟନ ଟ୍ରାଏଲ୍ସ ଲିଆଣ୍ଡର ପେସ୍ ଟେନିସ କୋର୍ଟରେ ଆୟୋଜିତ ହୋଇଥିଲା। ଗତ ୯ରୁ ୧୧ ପର୍ଯ୍ୟନ୍ତ ଅନୁଷ୍ଠିତ ଚୟନ ଟ୍ରାଏଲ୍ସରେ ୭୦ ଭଲିବଲ ଓ ୫୬ ଟେନିସ ଖେଳାଳି ଅଂଶଗ୍ରହଣ କରିଥିଲେ। ଚଳିତ ମାସ ଶେଷ ଭାଗରେ କିଟ୍‌ରେ ଆଥ୍‌ଲେଟିକ୍ସ ଓ ବ୍ୟାଡ୍‌ମିଣ୍ଟନର ମଧ୍ୟ ଚୟନ ଟ୍ରାଏଲ୍ସ ହେବ। ଆର୍ଚେରିର ଟ୍ରାଏଲ୍ସ ମଧ୍ୟ ଏଠାରେ ହୋଇଥିଲା। ମନୋନୀତ ଖେଳାଳିମାନଙ୍କୁ କିଟ୍ ଓ କିସ୍‌ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଅଭିନନ୍ଦନ ଜଣାଇଛନ୍ତି।

# ଡବ୍ଲ୍ୟୁଟିସି ସାଇକେଲ ପଏଣ୍ଟ ବ୍ୟବସ୍ଥାରେ ପରିବର୍ତ୍ତନ ହୋଇପାରେ

**ଲଣ୍ଡନ, ୧୨।୪ (ପି.ଟି.)**

ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି) ୱାର୍ଲ୍ଡ ଟେଷ୍ଟ ଚାମ୍ପିୟନଶିପ୍‌ର ପଏଣ୍ଟ ବ୍ୟବସ୍ଥାରେ ବଡ଼ ଧରଣର ପରିବର୍ତ୍ତନ କରିବା ଲାଗି ରାଜି ହୋଇପାରେ। ତେବେ ଟେଷ୍ଟ କ୍ରିକେଟକୁ ଦୁଇ ଡିଭିଜନରେ ଭାଗ କରିବାର ବିକଳ୍ପ ଉପରେ ଆଲୋଚନା ହେବାର ଖୁବ୍ କମ ସମ୍ଭାବନା ରହିଥିବା ଅନ୍ତର୍ଜାତୀୟ ଗଣମାଧ୍ୟମରେ ଏକ ରିପୋର୍ଟ ପ୍ରକାଶ ପାଇଛି। ଅନ୍ତର୍ଜାତୀୟ କ୍ରିକେଟର ପରିଚାଳନା ସଂସ୍ଥା ଦୀର୍ଘଦିନ ହେଲା ବଡ଼ ବ୍ୟବଧାନରେ ବିଜୟ ଲାଗି ବୋନସ ପଏଣ୍ଟର ନୂଆ ବ୍ୟବସ୍ଥା ଉପରେ ବିଚାର କରୁଛି। ଏଭଳି ପଏଣ୍ଟ ବ୍ୟବସ୍ଥା ରଗ୍‌ବୀ ୟୁନିଅନ ଦ୍ୱାରା ବ୍ୟବହାର କରାଯାଏ। ଅପେକ୍ଷାକୃତ ଶକ୍ତିଶାଳୀ ଦଳ ବିରୋଧରେ ମିଳିଥିବା ବିଜୟ ଓ ବିଦେଶରେ ଜିତିବା ଲାଗି ଅତିରିକ୍ତ ପଏଣ୍ଟ ଉପରେ ଜିମ୍ବାୱେଠାରେ ଚାଲିଥିବା ୪ ଦିନିଆ ବୈଠକରେ ଆଲୋଚନା ହେବ। ପରବର୍ତ୍ତୀ ୱାର୍ଲ୍ଡ ଟେଷ୍ଟ ଚାମ୍ପିୟନଶିପ୍ (ଡବ୍ଲ୍ୟୁଟିସି) ସାଇକେଲ ଆସନ୍ତା ଜୁନରେ ଭାରତ ଓ ଇଂଲଣ୍ଡ ମଧ୍ୟରେ ହେବାକୁ ଥିବା ୫ ମ୍ୟାଚ ବିଶିଷ୍ଟ ଟେଷ୍ଟ ସିରିଜ ସହିତ ଆରମ୍ଭ ହେବ। ୨୦୨୩-୨୫ ସାଇକେଲର ଫାଇନାଲ ଲର୍ଡ୍ସଠାରେ ଦକ୍ଷିଣ ଆଫ୍ରିକା ଓ ଅଷ୍ଟ୍ରେଲିଆ ମଧ୍ୟରେ ଖେଳାଯିବ।

### ଏକକ ଲିଗ୍ ଫର୍ମାଟ ରହିପାରେ

ବର୍ତ୍ତମାନ ଲାଗି ଟେଷ୍ଟ କ୍ରିକେଟକୁ ଦୁଇ ଡିଭିଜନରେ ଭାଗ ଭାଗ କରିବାର ଯୋଜନାକୁ ଆଇସିସି ସ୍ଥଗିତ ରଖିପାରେ। କ୍ରିକେଟ ଅଷ୍ଟ୍ରେଲିଆ ପକ୍ଷରୁ ଡବ୍ଲ୍ୟୁଟିସିକୁ ଦୁଇଟି ଡିଭିଜନରେ ଭାଗ କରିବାକୁ ସୁପାରିସ ଦିଆଯାଇଥିଲା। ଏହା ଉପରେ ଭୋଟିଂ ନ କରିବାକୁ ନିଷ୍ପତ୍ତି ନିଆଯାଇଛି। ରିପୋର୍ଟରେ କୁହାଯାଇଛି ଯେ, ଦୁଇ ଥାକିଆ ବ୍ୟବସ୍ଥା କାର୍ଯ୍ୟକାରୀ କରିବା ପାଇଁ ଆଇସିସିକୁ ଆର୍ଥିକ ଓ କ୍ରୀଡ଼ାଭିତ୍ତିକ ପ୍ରଭାବ ଉପରେ ବିଚାର କରିବାକୁ ପଡ଼ିବ।

# ଆନ୍ତଃଜିଲ୍ଲା ସିନିୟର ରଗ୍‌ବୀ ଉଦ୍‌ଯାପିତ

## କେନ୍ଦୁଝରକୁ ହରାଇ କିସ୍ ଚାମ୍ପିୟନ

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**




ଚାମ୍ପିୟନ କିସ୍ ଦଳ ଟ୍ରଫି ସହ ଅତିଥିଙ୍କ ଗହଣରେ।

ଓଡ଼ିଶା ରଗ୍‌ବୀ ଫୁଟବଲ ଆସୋସିଏଶନ (ଓର୍‌ଫା) ଆନୁକୂଲ୍ୟରେ ଆନ୍ତଃଜିଲ୍ଲା ସିନିୟର ମହିଳା ରଗ୍‌ବୀ ୭ଏସ୍ ଟୁର୍ଣ୍ଣାମେଣ୍ଟ ଓ ଚୟନ ଟ୍ରାଏଲ ଆଇଆର୍‌ସି ଭିଲେଜସ୍ଥିତ ସରକାରୀ ଉଚ୍ଚ ବିଦ୍ୟାଳୟ ପଡ଼ିଆରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରାଜ୍ୟର ବିଭିନ୍ନ ଜିଲ୍ଲାରୁ ୧୨ଟି ପୁରୁଷ ଦଳ ଅଂଶଗ୍ରହଣ କରିଥିଲେ। ପୂରା ପ୍ରତିଯୋଗିତାରେ ପ୍ରଭାବୀ ପ୍ରଦର୍ଶନ କରି କିସ୍ ଚାମ୍ପିୟନ ଓ କେନ୍ଦୁଝର ରନରଅପ୍ ହୋଇଛି। ସମ୍ପୂର୍ଣ୍ଣ ଏକପାଖିଆ ଫାଇନାଲରେ କିସ୍ ୨୦-୦ ପଏଣ୍ଟରେ କେନ୍ଦୁଝରକୁ ପରାସ୍ତ କରିଛି। ତୃତୀୟ ସ୍ଥାନ ପାଇଁ ଅନୁଷ୍ଠିତ ମ୍ୟାଚରେ ମୟୂରଭଞ୍ଜ ୧୦-୫ରେ ଭୁବନେଶ୍ୱରକୁ ହରାଇ ଦେଇଛି। ଉଦ୍‌ଯାପନୀ ସମାରୋହରେ ଓର୍‌ଫା ସଭାପତି ପ୍ରିୟଦର୍ଶୀ ମିଶ୍ର, ସମ୍ପାଦକ ଉପେନ୍ଦ୍ର କୁମାର ମହାନ୍ତି, ଯୁଗ୍ମ ସମ୍ପାଦକ ସୁଶାନ୍ତ କୁମାର ସାହୁ, ମ୍ୟାଚ ଅଫିସିଆଲ ଧୀରେନ କୁମାର ରାଉତ ପ୍ରମୁଖ ଉପସ୍ଥିତ ଥିଲେ।

# ଓଡ଼ିଶାକୁ ବ୍ରୋଞ୍ଜ ପଦକ

## ଜାତୀୟ ସବ୍‌ଜୁନିୟର ବାଳକ ହ୍ୟାଣ୍ଡବଲ

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**



ଅତିଥିଙ୍କ ସହ ବ୍ରୋଞ୍ଜ ପଦକ ବିଜୟୀ ଓଡ଼ିଶା ଦଳ।

ଓଡ଼ିଶା ହ୍ୟାଣ୍ଡବଲ ଇତିହାସରେ ଯୋଡ଼ି ହୋଇଛି ଆଉ ଏକ ସଫଳ ଫର୍ଦ୍ଦ। କେନ୍ଦୁଝର ଠାରେ ଶନିବାର ଉଦ୍‌ଯାପିତ ହୋଇଥିବା ୩୯ତମ ଜାତୀୟ ସବ୍‌ଜୁନିୟର ବାଳକ ହ୍ୟାଣ୍ଡବଲ ପ୍ରତିଯୋଗିତାରେ ଓଡ଼ିଶା ବ୍ରୋଞ୍ଜ ପଦକ ହାସଲ କରି ଇତିହାସ ରଚିଛି। ସେମିଫାଇନାଲରେ ଓଡ଼ିଶା ୨୧-୩୬ ଗୋଲରେ ଉତ୍ତରପ୍ରଦେଶଠାରୁ ପରାଜିତ ହୋଇଥିଲା। ଖେଳର ନିୟମ ଅନୁସାରେ ଅନ୍ୟ ପରାଜିତ ସେମିଫାଇନାଲିଷ୍ଟ ହରିୟାଣା ସହ ଓଡ଼ିଶା ଯୁଗ୍ମଭାବେ ବ୍ରୋଞ୍ଜ ପଦକ ହାସଲ କରିଛି। ପ୍ରି-କ୍ୱାର୍ଟର ଫାଇନାଲରେ ଓଡ଼ିଶା ୧୪-୪ରେ ଦିଲ୍ଲୀକୁ ଓ କ୍ୱାର୍ଟର ଫାଇନାଲରେ ମଣିପୁରକୁ ୨୪-୨୧ରେ ପରାସ୍ତ କରିଥିଲା। ଏହି ସଫଳତା ପାଇଁ ଓଡ଼ିଶା ହ୍ୟାଣ୍ଡବଲ ସଂଘର ସଭାପତି ବିପ୍ଲବ ଚୌଧୁରୀ, ସମ୍ପାଦକ ମାନସ କୁମାର ସିଂ, କୋଷାଧ୍ୟକ୍ଷ ଶୀତେନ୍ଦ୍ରନାଥ ଦାସ, କୋଚ୍ ଗୌରୀ ଶଙ୍କର ମିଶ୍ର ଦଳକୁ ଅଭିନନ୍ଦନ ଜଣାଇଛନ୍ତି।

# ଦିନିକିଆରେ ଦୁଇ ବଲ ବ୍ୟବହାର ନିୟମ ବଦଳିପାରେ

**ନୂଆଦିଲ୍ଲୀ, ୧୨।୪ (ପି.ଟି.)**

ଦିନିକିଆ କ୍ରିକେଟ ବ୍ୟାଟରଙ୍କୁ ଅତ୍ୟଧିକ ସୁହାଉଥିବାରୁ ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି) ୫୦ ଓଭରିଆ ଫର୍ମାଟରେ ଦୁଇ ନୂଆ ବଲର ବ୍ୟବହାର ନିୟମରେ ପରିବର୍ତ୍ତନ କରିପାରେ। ଦିନିକିଆ ଫର୍ମାଟରେ ଏକ ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ହେଲା ଦୁଇ ନୂଆ ବଲ ବ୍ୟବହାର କରାଯାଉଛି। ଭାରତର ପୂର୍ବତନ ଅଧିନାୟକ ସୌରଭ ଗାଙ୍ଗୁଲିଙ୍କ ନେତୃତ୍ୱାଧୀନ ଆଇସିସି କ୍ରିକେଟ କମିଟି ଦିନିକିଆରେ ଗୋଟିଏ ବଲ ବ୍ୟବହାର କରିବାକୁ ସୁପାରିସ କରିଛି। ଏହି ସୁପାରିସକୁ ପ୍ଲେଇଂ କଣ୍ଡିଶନରେ ସାମିଲ କରିବା ପାଇଁ ଆଇସିସି ବୋର୍ଡ ଅଫ ଡାଇରେକ୍ଟର୍ସଙ୍କ ମଞ୍ଜୁରୀ ଦରକାର। ଆଇସିସି ବୋର୍ଡ ସଦସ୍ୟ ହରାରେରେ ରବିବାର ଏ ସଂକ୍ରାନ୍ତରେ ଆଲୋଚନା କରିବେ। ବର୍ତ୍ତମାନ ପର୍ଯ୍ୟନ୍ତ ଦିନିକିଆରେ ଦୁଇଟି ନୂଆ ଧଳା କୁକାବୁରା ବଲ ବ୍ୟବହାର କରାଯାଉଛି। ବୋଲରମାନେ ଉଭୟ ଏଣ୍ଡରୁ ଭିନ୍ନ ଭିନ୍ନ ନୂଆ ବଲ ବ୍ୟବହାର କରୁଥିବାରୁ ବଲ ମ୍ୟାଚ ଶେଷ ହେବା ପର୍ଯ୍ୟନ୍ତ ହାର୍ଡ ରହୁଛି। ଏହା ବ୍ୟାଟରଙ୍କୁ ମୁକ୍ତ ଭାବେ ସ୍କୋର କରିବାକୁ ସୁଯୋଗ ଦେଉଛି। ୩୦ ୟାର୍ଡ ସର୍କଲ ବାହାରେ ମାତ୍ର ୪ ଖେଳାଳିଙ୍କୁ ଅନୁମତି ଥିବାରୁ ବୋଲରଙ୍କ ଅପେକ୍ଷା ବ୍ୟାଟରମାନେ ଅଧିକ ଫାଇଦାରେ ରହୁଛନ୍ତି। ଏପରି କି କ୍ରିକେଟ ଆଇକନ ସଚିନ ତେନ୍ଦୁଲକର ମଧ୍ୟ ଦୁଇ ନୂଆ ବଲ ବ୍ୟବହାରକୁ ନାପସନ୍ଦ କରିଥିଲେ। ଦୁଇ ନୂଆ ବଲର ବ୍ୟବହାର ଯୋଗୁ ରିଭର୍ସ ସ୍ୱିଙ୍ଗ ଦେଖିବାକୁ ମିଳୁନାହିଁ। କାରଣ ରିଭର୍ସ ସ୍ୱିଙ୍ଗ ହେବା ଲାଗି ବଲକୁ ଅତିକମ୍‌ରେ ୩୫ ଓଭର ପୁରୁଣା ହେବା ଦରକାର। ବଲ ପୂରା ମ୍ୟାଚରେ ହାର୍ଡ ରହୁଥିବାରୁ ସ୍ପିନରମାନେ ବି ସଂଘର୍ଷ କରୁଛନ୍ତି। ଦୁଇଟି ବଲ ୨୫ତମ ଓଭର ପର୍ଯ୍ୟନ୍ତ ବ୍ୟବହାର କରାଯିବାର ସମ୍ଭାବନା ରହିଛି। ତା' ପରେ ବୋଲିଂ ଦଳକୁ ଦୁଇ ବଲ ମଧ୍ୟରୁ ଗୋଟିଏ ବାଛିବାକୁ ବିକଳ୍ପ ଦିଆଯାଇପାରେ, ଯେଉଁଥିରେ ଦଳ ମ୍ୟାଚ ଶେଷ ପର୍ଯ୍ୟନ୍ତ ବୋଲିଂ କରିବ।

### ଟେଷ୍ଟରେ ଟାଇମ୍ କ୍ଲକ

ଟାଇମ୍‌ର କ୍ଲକ ସମ୍ପର୍କରେ ସୁପାରିସ କରାଯାଇଛି ଯେ, ପ୍ରତି ଓଭର ମଧ୍ୟରେ ବୋଲିଂ ଦଳକୁ ୬୦ ସେକେଣ୍ଡ ଅନୁମତି ଦିଆଯିବ ଏବଂ ଏକ ଦିନରେ ୯୦ ଓଭର ବୋଲିଂ କରିବା ପାଇଁ ଏକ ନିର୍ଦ୍ଧାରିତ ସମୟ ଦିଆଯିବ। ଧିମା ଓଭର ହାର ଲାଗି ଟି୨୦ରେ ନିୟମ ରହିଛି। ଛୋଟିଆ ଫର୍ମାଟରେ ସମୟ ମଧ୍ୟରେ ଓଭର ଶେଷ ନ କରିଥିବା ଦଳକୁ ୧୯ତମ ଓଭର ଶେଷରେ ସର୍କଲ ମଧ୍ୟରେ ଅତିରିକ୍ତ ଜଣେ ଫିଲ୍ଡରଙ୍କୁ ରଖିବାକୁ ପଡ଼େ।

# ପଙ୍କଜ ଆଡ୍‌ଭାନୀଙ୍କୁ ରୌପ୍ୟ ପଦକ

**ନୂଆଦିଲ୍ଲୀ, ୧୨।୪ (ପି.ଟି.)**

ଭାରତର ଅଗ୍ରଣୀ କ୍ୟୁଇଷ୍ଟ ପଙ୍କଜ ଆଡ୍‌ଭାନୀ ଏଠାରେ ଚାଲିଥିବା ଡବ୍ଲ୍ୟୁବିଏଲ୍ ୱାର୍ଲ୍ଡ ମ୍ୟାଚ୍‌ପ୍ଲେ ବିଲିୟାର୍ଡ୍ସ ଚାମ୍ପିୟନଶିପ୍‌ରେ ରୌପ୍ୟ ପଦକ ଲାଭ କରିଛନ୍ତି। ବେଷ୍ଟ ଅଫ୍ ୧୫ ଫାଇନାଲ ମୁକାବିଲାରେ ସେ ବ୍ରିଟେନର ଡେଭିଡ୍ କଜିରଙ୍କଠାରୁ ଅଳ୍ପକେ ହାରିଯାଇଛନ୍ତି। ଆୟର୍ଲାଣ୍ଡର କାର୍ଲୋଠାରେ ଅନୁଷ୍ଠିତ ଏହି ମୁକାବିଲାରେ ଉଭୟ ଖେଳାଳିଙ୍କ ମଧ୍ୟରେ ତୀବ୍ର ପ୍ରତିଯୋଗିତା ହୋଇଥିଲା। ତେବେ କଜିର ଅଳ୍ପକେ ୮-୭ (୧୯-୧୦୦, ୦-୧୦୦, ୧୦୦-୪୭, ୧୦୦-୫୨, ୧୯-୧୦୦, ୧୦୦-୦, ୪୯-୧୦୦, ୧୦୦-୩, ୩୪-୧୦୦, ୪-୧୦୦, ୧୦୦-୮୫, ୩୧-୧୦୦, ୧୦୦-୫୩, ୧୦୦-୪୩, ୧୦୦-୧୮) ମୁକାବିଲା ଜିତି ନେଇଥିଲେ। ଆଡ୍‌ଭାନୀ ବର୍ତ୍ତମାନ ଆଇବିଏସ୍ଏଫ୍ ୱାର୍ଲ୍ଡ ବିଲିୟାର୍ଡ୍ସ ଟାଇଟଲ ବଜାୟ ରଖିବାକୁ ଲକ୍ଷ୍ୟ ରଖିଛନ୍ତି।


# Classified Everyday
**0674-2580101, 9692975378**



MATRIMONIAL

## BRIDE WANTED

ଚାକିରି କରି ଏକାକୀ ରହୁଥିବା 49ବୟସ ଖଣ୍ଡାୟତ ପୁଅ (Divorcee) ପାଇଁ ଯେକୌଣସି ଜାତିର 30-45yrs ଝିଅ ଆବଶ୍ୟକ। Candidate: 9861141891. D-149

ମନବୁଝା ସନ୍ତାନଯୋଗ୍ୟା ସଂସ୍କାରୀ ପାତ୍ରୀ ଆବଶ୍ୟକ। ଯୁବସୁଲଭ ଯୋଗାଭ୍ୟାସୀ ଡାଇଭର୍ସଡ୍ ବୟସ୍କ ବ୍ରାହ୍ମଣ ଉଚ୍ଚଶିକ୍ଷାପ୍ରାପ୍ତ ସରକାରୀ ଆୟୁର୍ବେଦ ଡାକ୍ତର। ସକାରାତ୍ମକତା, ବୁଝିବାରେ ଜୀବନ ଆନନ୍ଦମୟ। 9437593214. D-151

## GROOM WANTED

ବୟସ 28 କୌଣସି ଚାକିରି କରୁ ନ ଥିବା ସୁନ୍ଦରୀ ସୁଶୀଳ ଝିଅଙ୍କ ପାଇଁ ଯେକୌଣସି ଜାତିର ବରପାତ୍ର ଆବଶ୍ୟକ।7077016578 ଧ-୭୫୩୭୯

Beautiful Khandayat Girl 1997, 5'3" MSc, B.ed, serving Lecturer Govt. College, "Sunasansar"-9937512659. D-76257

### ପାଠକଙ୍କ ପାଇଁ ସୂଚନା

କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।



REAL ESTATE

## SALE

ଫୁଲନଖରା ଅନନ୍ତପୁର ସରକାରୀ ରାସ୍ତାକୁ ଲାଗିକି ମୋର ଘରବାରି Plot ବିକ୍ରି ହେବ। Area-2100sqft, 2250/- fix rate. 9556187814. D-014

4BHK Duplex Rera/ BMC approved at Hanspal. Finance from National Bank, 1Km NH. 8847887273. D-145

**Duplex sale with gated Society near Aiims Hospital, Bhubaneswar. 9777433701.** D-76256

ଭିଙ୍ଗାରପୁର ଛକଠାରୁ 7 କି.ମି. ଆଗରେ ମୌଜା ପ୍ରତାପରୁଦ୍ରପୁରଠାରେ କେନାଲ ପିଚୁ ରାସ୍ତାକୁ ଲାଗି **24500** ବର୍ଗଫୁଟ ଜମି ବିକ୍ରି ହେବ। ପ୍ରତି ବର୍ଗଫୁଟକୁ **300** ଟଙ୍କା। ଯୋଗାଯୋଗ: **9439688844.** D-136

**Gharabari plot with compoundwall 52x40 2080sft. at lowest price 7K.M. from NAKHARA, 12K.M. from BHUBANESWAR also instalment basis (middle of CTC & BBSR) no interest. 7809525452.** D-76439

Email ମାଧ୍ୟମରେ କ୍ଲାସିଫାଏଡକୁ ବିଜ୍ଞାପନ ପଠାଇବାର ଠିକଣା:- classifieddharitri@gmail.com




All types hair cutting, body massage by smart lady room services available. Contact: 7077240328. D-71396

**Full body massage experience, good looking therapist @999 (Bhubaneswar). 9078484455.** D-152

Kerala Ayurveda massage therapy gents/ Ladies pain relief Bhubaneswar. 9337672475. D-141

Full body massage by odia therapist in homely atmosphere. 9556498382. D-75378

Newly open Jyoti SPA positively health benefits (Expert therapist). 8458067955. D-76908

Positively health benefited SPA by expert female therapist. 9114559860. D-76907

## BUSINESS

Learn AI Automation, Web design, SEO, Digital advertising with Digitomesh Bhubaneswar/ Puri. 100% placement guarantee in IT, Realestate, Hotels. Get AI tools 5,00,000/- 8093008289. D-052

## LOST

I, Susant Nayak, S/o- Radhu Nayak, At/P.O.- Badihi, P.S.- Tantipala, Dist.- Kendrapara, Odisha, I am the owner of the Property of ROR No.- 201/153, dt- 06.11.2023, which was purchased from Pabitra Samal vide sale deed No.- 10962301531, dt- 18.10.2023 ROR No.- 201/38, Plot No.- 430/915, which is in the name of Dinabandhu Samantray and Daitari Samantray has been purchased Vide RSD No.- 493 dt- 26.03.2007, Area- 0.060 Dec. Under Mouza- Jasuapli, Tahasil- Mahakalpada, Dist.- Kendrapara. That Original ROR No.- 201/38, Plot No.- 430/915, RSD No.- 493, dt- 26.03.2007, which is link to my property Document ROR No.- 201/153, dt- 06.11.2023, RSD No.- 10962301531 dt- 18.10.2023, has been lost some where during travel from my own house to Kendrapara at Aurata Chowk on dt- 29.03.2025 and inspite of my best efforts the ROR and the sale deed was untraceable. Any person find this document please contact the above address or on this Mobile No.- 8144569711. D-140

ନିଜର ପ୍ରିୟଜନମାନଙ୍କୁ ଜନ୍ମଦିନର ଓ ବିବାହ ଶୁଭେଚ୍ଛା ଜଣାନ୍ତୁ କେବଳ ଟ୨୧୦/- ରେ। ରଙ୍ଗୀନ ଟ୪୨୦/- ରେ। (ଫଟୋ ସହ) ବି.ଦ୍ର.: ଶୁଭେଚ୍ଛା ୬ସେମି. (H) X ୪ସେମି. (W) ହେବା ଆବଶ୍ୟକ।

## AFFIDAVIT

By virtue of an affidavit sworn before the Executive Magistrate, Dharmasala dated 08.04.2025, I, Mahammad Jakir Hosen, At/P.O.- Neulpur, P.S.- Dharmasala, Dist.- Jajpur, PIN- 755024, Odisha declare that I have changed my son's name from Mojasil Hosen To Mojammil Hussain. Henceforth, he shall be known as Mojammil Hussain for all future purposes. D-144

By an affidavit before Notary Public, Balasore, I, Rasmi Simons, D/o- Biren Chandra Das, W/o- Manuel Simons of Padhuanpada, P.S.- Sahadevkhunta, Balasore, Odisha my name recorded in Educational Certificates Rashmi Rekha Das. After my marriage with Manuel Simons presently I known as Rasmi Simons and accordingly my name in Aadhaar Card vide No.- xxxx xxxx 8058 and my Pan card EPSP0487E have been prepared as RASMI SIMONS, though I am one and same person & it will be used in future for all purposes. D-148

I, Priti Priyadarsini, D/o- Prasanta Kumar Behera, At- MIG11, H.B. Colony, P.O./P.S./Dist.- Khordha-752055, I declare by this affidavit No.- 842 dated on 28.03.2025 that now onwards I shall be known as Priti Priyadarshni for all purposes. D-73586

## ମନେ ପଡ଼ନ୍ତି

### ୧୮ତମ ଶ୍ରାଦ୍ଧବାର୍ଷିକୀ



**ସ୍ୱର୍ଗତା ଶରଦଶଶୀ ନାୟକ**

ଗୋ ମା', ତୁମେ ଯେଉଁଠି ଥାଅ ସୁଖ ଶାନ୍ତିରେ ଥାଅ ଏବଂ ତୁମର ଅସରନ୍ତି ସ୍ନେହ, ଶ୍ରଦ୍ଧା ଓ ଆଶୀର୍ବାଦ ଆମକୁ ପଥ ପ୍ରଦର୍ଶନ କରୁଥାଉ। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ଆମର ଏତିକି ପ୍ରାର୍ଥନା।

:ଶୋକସନ୍ତପ୍ତ:
ସମସ୍ତ ନାୟକ ପରିବାର ଓ ସାହିପଡ଼ିଶାବୃନ୍ଦ, ଚୌଧୁରୀ ସାହି, ବାଲେଶ୍ୱର। ଧ-୧୪୩

### ଏକାଦଶାହରେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



**ଵ ମନୋରମା ଜେନା**

ଆବିର୍ଭାବ : ୨୨.୧୨.୧୯୩୧
ତିରୋଧାନ : ୦୩.୦୪.୨୦୨୫

କୋରକରା (ଉଆସ), ଭଦ୍ରକ

ଆପଣଙ୍କ ଅମର ଆତ୍ମାର ଶାନ୍ତି ଓ ସଦ୍‌ଗତି ନିମନ୍ତେ ମହାପ୍ରଭୁ ଶ୍ରୀଜଗନ୍ନାଥ, ବାବା ଆଖଣ୍ଡଳମଣୀ ଓ ମା ବଙ୍କବାଶୁଳୀଙ୍କ ନିକଟରେ ପ୍ରାର୍ଥନା।

ଶୋକସନ୍ତପ୍ତ
ଜେନା ପରିବାର ଓ ବନ୍ଧୁବର୍ଗ ଧ-୧୪୨



# ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍

**ଆଜିର ଯୁବପିଢ଼ି ନିଜ କ୍ୟାରିୟରକୁ ନେଇ ଅଧିକ ଚିନ୍ତିତ। ଯେଉଁଥିପାଇଁ ବୈବାହିକ ଦମ୍ପତି ହୁଅନ୍ତୁ ଅବା ପ୍ରେମିକ ପ୍ରେମିକା ପରସ୍ପରଠୁ ବହୁ ଦୂରରେ ରହୁଛନ୍ତି; ଯାହାକୁ ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍ ବୋଲି କୁହାଯାଉଛି। ହେଲେ ଏମିତିରେ କାର୍ଯ୍ୟବ୍ୟସ୍ତତା ଭିତରେ କିମ୍ବା ଅନ୍ୟ କୌଣସି କାରଣରୁ ପରସ୍ପର ସହ କଥା ହେବାକୁ ସମୟ ନ ଦେବା ଅବିଶ୍ୱାସ ଓ ସନ୍ଦେହ ସୃଷ୍ଟି କରିଥାଏ। ଯାହାକି ଧୀରେ ଧୀରେ ରାଗ, ରୁଷା, ଝଗଡ଼ା ସହ କେବେକେବେ ସମ୍ପର୍କ ଭାଙ୍ଗିବାର ବି କାରଣ ସାଜିଥାଏ। କେବଳ ଏତିକି ନୁହେଁ, ବର୍ତ୍ତମାନ ଏଥିପାଇଁ ଅନେକ ଅଭାବନୀୟ ଘଟଣା ଘଟୁଥିବାର ବି ଦେଖିବାକୁ ମିଳୁଛି...**

ସଫଳ କ୍ୟାରିୟରକୁ ନେଇ ବେଶ୍ ଚିନ୍ତିତ ଆଜିର ଯୁବପିଢ଼ି। ତେଣୁ ଅନେକେ ଏବେ ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍‌ରେ ରହୁଥିବା ଦେଖିବାକୁ ମିଳୁଛି। ହେଲେ ଏମିତିରେ କେବେକେବେ ସମ୍ପର୍କ ଖରାପ ହେବା ବ୍ରେକ୍‌ଅପ୍, ଡିଭର୍ସ ଭଳି ଘଟଣା ବି ବଢ଼ିବାରେ ଲାଗିଛି। କେବଳ ଏତିକି ନୁହେଁ, ଏଭଳି ସମ୍ପର୍କରେ ଦୂରତା ଅଧିକ ଥିବାରୁ ବେଳେବେଳେ ପରକୀୟା ପ୍ରୀତି, ବିଶ୍ୱାସଘାତକତା ଯୋଗୁ କେବେ କାହା ମନ ଭାଙ୍ଗୁଛି ତ ଆଉ କେବେ ପ୍ରତାରଣା ଦୁଃଖରେ କିଏ ଆତ୍ମହତ୍ୟା କରୁଛି ତ ପୁଣି କେବେ ପ୍ରତିଶୋଧ ପରାୟଣ ହୋଇ କେହି ହତ୍ୟା ଭଳି ଅଭାବନୀୟ ଘଟଣା ଘଟାଉଥିବାର ବି ନଜିର ରହିଛି। ତେଣୁ ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍‌ରେ ରହୁଥିଲେ ନିଜ ସମ୍ପର୍କକୁ ସୁନ୍ଦର ଏବଂ ଦୀର୍ଘସ୍ଥାୟୀ କରିବା ଲାଗି କେତେକ ଦିଗ ପ୍ରତି ବିଶେଷ ଧ୍ୟାନ ଦେବା ଦରକାର...

**କଥା ହେବା ଜରୁରୀ:** ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍ ମ୍ୟାନେଜ୍ କରିବା କୌଣସି ସହଜ କଥା ନୁହେଁ। କାରଣ କେବେକେବେ ଏଥିରେ ଖୁବ୍ ନିବିଡ଼ ସମ୍ପର୍କରେ ବି ତିକ୍ତତା ଆସିଯାଏ। ଦୀର୍ଘ ସମୟ ପରସ୍ପରକୁ ନ ଭେଟିବା ଫଳରେ ଏକ ଏକଲାପଣ ଅନୁଭବ ହୋଇଥାଏ। ଧୀରେ ଧୀରେ ଆପୋସ ବୁଝାମଣା ଖରାପ ହୋଇଥାଏ ଏବଂ କମ୍ୟୁନିକେଶନ୍ ଗ୍ୟାପ୍ ହେଲେ ସମ୍ପର୍କ ବିଗିଡ଼ିଥାଏ। ଏଭଳି ପରିସ୍ଥିତି ନ ଉପୁଜିବା ଲାଗି ଯେତେ ବ୍ୟସ୍ତ ଥିଲେ ମଧ୍ୟ କିଛି ସମୟ ବାହାର କରି ଫୋନ୍‌ରେ କଥା ହେବା ଦରକାର। ଭିଡିଓ କଲିଂରେ କଥା ହେଲେ ପାଖରେ ଥିବା ଭଳି ମନେହୁଏ ଏବଂ ଖୁସି ଲାଗେ। ଦିନ କିପରି କଟିଲା, କ'ଣ ଖାଇଲେ, କୁଆଡ଼େ ଗଲେ ଏବଂ ପରସ୍ପରର ଭଲ ମନ୍ଦ ଆଦି ଆଲୋଚନା କରିବା ଦ୍ୱାରା ମୁଡ୍ ଫ୍ରେଶ୍ ହୋଇଥାଏ ଏବଂ ପାଖରେ ରହିବା ଭଳି ମନେ ହୋଇଥାଏ।

**ଠିକ୍ ନୁହେଁ ବାରମ୍ବାର ଅଭିଯୋଗ:** ପରସ୍ପରକୁ ବୁଝନ୍ତୁ। ଯଦି କେହି କାର୍ଯ୍ୟବ୍ୟସ୍ତତା ଭିତରେ ରହିଯାଇଛନ୍ତି ଏବଂ ଫୋନ୍ ନ ଉଠାଉଛନ୍ତି, ତେବେ ବାରମ୍ବାର ଫୋନ୍ ନ କରି କଲ୍‌ବ୍ୟାକ୍ ଆସିବା ପର୍ଯ୍ୟନ୍ତ ଅପେକ୍ଷା କରିବା ଦରକାର। କଲ୍ ଆସିଲେ ତୁରନ୍ତ ରାଗିଯାଇ ଅଭିଯୋଗ କରିବା ଠିକ୍ ନୁହେଁ। ଏହାଦ୍ୱାରା ଅନ୍ୟକୁ ବିରକ୍ତ ଲାଗିପାରେ କିମ୍ବା ଆପଣଙ୍କର ତାଙ୍କ ଭଲପାଇବା ଉପରେ ବିଶ୍ୱାସ ନାହିଁ ବୋଲି ମନେ ହୋଇପାରେ। ତେଣୁ ଦୂରରେ ରହୁଥିଲେ ପରସ୍ପର ମଧ୍ୟରେ ବୁଝାମଣା ଠିକ୍ ରଖିବା ଏବଂ ସପୋର୍ଟ କରିବା ଦ୍ୱାରା ସମ୍ପର୍କ ମଜଭୁତ ହୋଇଥାଏ।





**ସନ୍ଦେହ ବି ହୋଇପାରେ କ୍ଷତିକାରକ:** ସନ୍ଦେହ ଏମିତି ଏକ ନକାରାତ୍ମକ ଚିନ୍ତା, ଯାହା ଏକ ନିବିଡ଼ ସମ୍ପର୍କକୁ କ୍ଷଣକରେ ଭାଙ୍ଗି ଦେଇପାରେ। ତେଣୁ ବୈବାହିକ ସମ୍ପର୍କକୁ ଅତୁଟ ରଖିବାକୁ ହେଲେ ସନ୍ଦେହକୁ ମନରେ ଆଦୌ ସ୍ଥାନ ଦେବା ଠିକ୍ ନୁହେଁ। ଅନେକେ ଏମିତି ଅଛନ୍ତି, ଯେଉଁମାନେ ଅନ୍ୟର ଶୁଣା କଥାରେ ନିଜ ଜୀବନସାଥୀଙ୍କୁ ସନ୍ଦେହ କରନ୍ତି। ହେଲେ ଏହାଦ୍ୱାରା ମନାନ୍ତର ହୋଇ ଧୀରେ ଧୀରେ ବିଚ୍ଛେଦର କାରଣ ସାଜିପାରେ। ତେଣୁ ମନରେ ସନ୍ଦେହକୁ ସ୍ଥାନ ଦିଅନ୍ତୁ ନାହିଁ, ବରଂ ଆବଶ୍ୟକ ସ୍ଥଳେ ପରସ୍ପର ସହ କଥା ହୋଇ ସନ୍ଦେହ ଦୂର କରନ୍ତୁ।

**ମଝିରେ ମଝିରେ ଭେଟିବା ଦରକାର:** ଦୂରରେ ରହୁଥିବା ଦମ୍ପତି ସମୟ ବାହାରକରି କିଛିଦିନ ଏକାଠି ରହିବା ନିହାତି ଦରକାର। ଏହାଦ୍ୱାରା କିଛିଦିନ କ୍ୱାଲିଟି ଟାଇମ୍ ସ୍ପେଣ୍ଡ କରିବାର ସୁଯୋଗ ମିଳିଥାଏ। ପରସ୍ପର ମଧ୍ୟରେ ଦୂରତା କମିଥାଏ ଏବଂ ସମ୍ପର୍କ ନିବିଡ଼ ହୋଇଥାଏ। ସେହିପରି ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍‌ରେ ରହୁଥିବା ପ୍ରେମୀଯୁଗଳ ବି ସମ୍ପର୍କ ବଞ୍ଚାଇ ରଖିବା ଲାଗି ପରସ୍ପରକୁ ଭେଟିବା ନିହାତି ଦରକାର। ମଝିରେ ମଝିରେ ସମୟ ବାହାର କରି ଅତି କମ୍‌ରେ ବର୍ଷରେ ୨/୩ଥର ଡେଟିଂରେ ଯିବା, ହୋଟେଲରେ ଖାଇବା, ଏକାଠି ବସି କଥା ହେବା, ମାର୍କେଟିଂ କରିବା, ଫିଲ୍ମ ଦେଖିବା ଦ୍ୱାରା ସମ୍ପର୍କ ଅତୁଟ ରହିଥାଏ।

**ଅନ୍ୟ କଥାରେ ପ୍ରଭାବିତ ହେବା ଠିକ୍ ନୁହେଁ:** ପ୍ରତ୍ୟେକ ସ୍ଥାନରେ ନେଗେଟିଭ୍ ଲୋକ ଥାଆନ୍ତି, ଯେଉଁମାନେ ଭଲ ସମ୍ପର୍କକୁ ଖରାପ କରିବା ଲାଗି କୌଣସି ସୁଯୋଗ ହାତଛଡା କରନ୍ତି ନାହିଁ। ଅନେକ ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍‌ରେ ସମ୍ପର୍କ ଭାଙ୍ଗିବା ପଛରେ ଏଭଳି ଲୋକଙ୍କ କୁମନ୍ତ୍ରଣା ରହିଥାଏ। କାରଣ ଅନେକେ ଏମିତି ଅଛନ୍ତି, ଯେଉଁମାନେ ସୁଯୋଗ ପାଇଲେ ଜଣଙ୍କ ଆଗରେ ତୁମ ପାର୍ଟନର୍ ଏକା ରହୁଛନ୍ତି ମାନେ ଅନ୍ୟ କାହା ସହ ରିଲେଶନ୍‌ରେ ଥିବେ, ସେ ତୁମକୁ ଧୋକା ଦେଉଥିବେ ଏଭଳି କଥା କହିବାକୁ ପଛାନ୍ତି ନାହିଁ। ଏହାଦ୍ୱାରା ଯେ ସମ୍ପର୍କ ଖରାପ ହେବ, ସେକଥା ସେମାନେ ଚିନ୍ତା କରନ୍ତି ନାହିଁ। ଏଭଳି ଲୋକଙ୍କଠାରୁ ଦୂରେଇ ରହିବା ନିହାତି ଆବଶ୍ୟକ। ତେଣୁ ଯଦି ଦୀର୍ଘ ସମୟ ପରସ୍ପରଠୁ ଦୂରରେ ରହୁଛନ୍ତି, ତେବେ ନିଜ ଭିତରେ ବିଶ୍ୱାସ ରଖିବା ସବୁଠୁ ଗୁରୁତ୍ୱପୂର୍ଣ୍ଣ।

**ସଚ୍ଚୋଟ ଏବଂ ବିଶ୍ୱସ୍ତ ହେବା ଦରକାର:** ଜୀବନସାଥୀ ହୁଅନ୍ତୁ ଅବା ପ୍ରେମୀଯୁଗଳ ପରସ୍ପରକୁ କୌଣସି କଥା ଲୁଚାଇବା ଠିକ୍ ନୁହେଁ। କାରଣ ଲୁଚାଇଲେ ଅବିଶ୍ୱାସ ଏବଂ ସନ୍ଦେହ ଜନ୍ମନିଏ, ଯାହାକି ସମ୍ପର୍କକୁ କ୍ଷତି ପହଞ୍ଚାଏ। ବିଶେଷକରି ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍‌ରେ ପାର୍ଟନରଙ୍କ ଆଗରେ ସବୁବେଳେ ସଚ୍ଚୋଟ ହୋଇ ହୃଦୟ ଖୋଲା ରଖି ସତ କହିଲେ ହିଁ ସମ୍ପର୍କ ମଧୁର ଏବଂ ଅତୁଟ ରହିଥାଏ।

**ଧୋକାର ନାହିଁ ସ୍ଥାନ:** ଅନେକେ ଏଭଳି ଅଛନ୍ତି, ଯେଉଁମାନେ ନିଜ ପାର୍ଟନରଙ୍କ ବ୍ୟତୀତ ଅନ୍ୟ ସହ ବି ସମ୍ପର୍କ ରଖନ୍ତି। ଆଉ ଅନେକ କ୍ଷେତ୍ରରେ ଲଙ୍ଗ୍ ଡିଷ୍ଟାନ୍ସ ରିଲେଶନ୍‌ଶିପ୍‌ରେ ଏଭଳି ପରକୀୟା ପ୍ରୀତି ଘଟଣା ଦେଖିବାକୁ ମିଳେ। ହେଲେ ଏଥିରେ ବିଶ୍ୱାସ ଭାଙ୍ଗିବା ବା ଧୋକା ଦେବା ଦ୍ୱାରା ସମ୍ପର୍କ ନଷ୍ଟ ହୋଇଥାଏ। ତେଣୁ ସମ୍ପର୍କକୁ ମଜଭୁତ କରିବାକୁ ହେଲେ ଏଭଳି ଆଦୌ କରିବା ଠିକ୍ ନୁହେଁ।



## ଜାଣନ୍ତୁ ଦୁନିଆ



# ସ୍ୱାସ୍ଥ୍ୟ ପାଇଁ ଅମୃତ ପଇଡ଼ପାଣି

**ଖରାର ପ୍ରଭାବ ବଢ଼ି ବଢ଼ି ଚାଲିଛି। ତେଣୁ ଏ ସମୟରେ ଥଣ୍ଡା ପାନୀୟର ଚାହିଦା ବି ଖୁବ୍ ବେଶି। ବିଶେଷକରି ଯୁବପିଢ଼ି କୋଲ୍ଡଡ୍ରିଙ୍କ୍ସକୁ ଯେପରି ପାଣି ଭଳି ଦୈନନ୍ଦିନ ପାନୀୟ ତାଲିକାରେ ସାମିଲ କରିସାରିଲେଣି, ଯାହାକି ସେମାନଙ୍କଠାରେ ବିଭିନ୍ନ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି କରୁଛି। ହେଲେ ଏହା ପରିବର୍ତ୍ତେ ଯେଉଁମାନେ ପଇଡ଼ପାଣିକୁ ବାଛୁଛନ୍ତି, ସେମାନେ ଅଧିକ ଫିଟ୍ ରହୁଥିବା ଦେଖିବାକୁ ମିଳୁଛି...**

⏭କୋଲ୍ଡଡ୍ରିଙ୍କ୍ସରେ ଥିବା କାର୍ବନ ଡାଇଅକ୍ସାଇଡ ଓ ଅନ୍ୟାନ୍ୟ ଉପାଦାନ ସ୍ୱାସ୍ଥ୍ୟ ପ୍ରତି ହିତକର ହୋଇ ନ ଥିବା ବେଳେ ପଇଡ଼ପାଣିରେ ଭରି ରହିଛି ପ୍ରଚୁର ପରିମାଣରେ ପୋଷକ ତତ୍ତ୍ୱ, ଯାହାକି ସ୍ୱାସ୍ଥ୍ୟ ପାଇଁ ଅମୃତ। ଏହା ମଣିଷର ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି କରିବାରେ ସାହାଯ୍ୟ କରିଥାଏ। ତେଣୁ ଡାକ୍ତରମାନେ ରୋଗୀମାନଙ୍କୁ ପଇଡ଼ପାଣି ପିଇବାକୁ ପରାମର୍ଶ ଦେଇଥାନ୍ତି।

⏭କୋଲ୍ଡଡ୍ରିଙ୍କ୍ସ ଯଦିଓ ପାଟିକୁ ଭଲ ଲାଗିଥାଏ, ହେଲେ ସେଥିରେ ଥିବା କାର୍ବନ ଡାଇଅକ୍ସାଇଡ୍ ଏସିଡ୍ କରାଇବା ସହ ଦାନ୍ତର ଏନାମେଲ୍ ନଷ୍ଟ କରିଥାଏ। ଖରାଦିନେ ଝାଳ ଆକାରରେ ଶରୀରରୁ ପୋଟାସିଅମ୍, ଶ୍ୱେତସାର, କ୍ଲୋରାଇଡ୍, ମ୍ୟାଗ୍ନେସିଅମ୍ ଭଳି ବିଭିନ୍ନ ଉପାଦାନ କ୍ଷୟ ହେଉଥିବାରୁ ଅନେକଙ୍କଠାରେ ଡିହାଇଡ୍ରେଶନ୍ ସମସ୍ୟା ଦେଖାଦେଇଥାଏ। ଏ ସମସ୍ତ ଉପାଦାନ ପଇଡ଼ପାଣିରେ ଭରି ରହିଛି। ପାଠପଢ଼ା, ଜବ୍, ଖେଳ କିମ୍ବା ଅନ୍ୟାନ୍ୟ କାର୍ଯ୍ୟ ଲାଗ ଖରାରେ ବାହାରକୁ ଯାଉଥିବା ଯୁବପିଢ଼ିଙ୍କଠାରେ ପଇଡ଼ପାଣି ପିଇଲେ ଡିହାଇଡ୍ରେଶନ୍ ସମସ୍ୟା ଦେଖାଦେଇ ନ ଥାଏ।

⏭ଖରାଦିନେ କୋଲ୍ଡଡ୍ରିଙ୍କ୍ସ ପିଇଲେ ଏସିଡିଟି ଏବଂ ଅନ୍ୟାନ୍ୟ ପେଟ ସମସ୍ୟା ଦେଖାଦିଏ। ହେଲେ ଏହା ବଦଳରେ ପଇଡ଼ପାଣି ପିଇଲେ ସେଥିରେ ଥିବା ଭରପୂର ମାତ୍ରାରେ ଇଲେକ୍ଟ୍ରୋଲାଇଟ୍ ଖରାଦିନେ ହେଉଥିବା ପେଟ ଗରମ, ପରିସ୍ରାପୋଡ଼ା, ଇନ୍‌ଫେକ୍ସନ ଭଳି ସମସ୍ୟା ଦୂର ହୋଇଥାଏ। ଏହା ଶରୀରରୁ ବ୍ୟାଡ୍ କୋଲେଷ୍ଟରଲ ଦୂରକରି ଗୁଡ୍ କୋଲେଷ୍ଟରଲ ବୃଦ୍ଧି କରିବାରେ ସାହାଯ୍ୟ କରିଥାଏ।

⏭ଅଧିକ କୋଲ୍ଡଡ୍ରିଙ୍କ୍ସ ପିଇବା ଦ୍ୱାରା ହର୍ମୋନ ପରିବର୍ତ୍ତନ ହୋଇଥାଏ, ଯାହାଫଳରେ ଅନେକ ଯୁବତୀଯୁବକଙ୍କଠାରେ ବ୍ରଣ ସମସ୍ୟା ଦେଖାଦିଏ। ଏମିତିରେ ପଇଡ଼ପାଣି ଖୁବ୍ ଉପକାରୀ। ଏଥିରେ ଥିବା ଆଣ୍ଟି ଫଙ୍ଗାଲ୍ ଓ ଆଣ୍ଟି ମାଇକ୍ରୋବିଆଲ ଉପାଦାନ ବ୍ରଣ ଦୂର କରିବା ସହ ତ୍ୱଚାକୁ ଚିକ୍କଣ ଏବଂ ବେଦାଗ କରିଥାଏ।



## ଏ ସପ୍ତାହର ପ୍ରଶ୍ନ

୧- ଆସୋଲା ଭାଟି ୱାଇଲ୍ଡଲାଇଫ୍ ସାଙ୍କ୍ଚୁଆରୀ ......... ପର୍ବତମାଳାରେ ଅବସ୍ଥିତ ?
୨- ମ୍ୟାକ୍‌ଡୋନାଲ୍ଡ ଆଇସ୍‌ଲାଣ୍ଡ .............. ରେ ଅବସ୍ଥିତ ?
୩- ଖେଲୋ ଇଣ୍ଡିଆ ୟୁଥ୍ ଗେମ୍ସ ୨୦୨୫ .......... ରାଜ୍ୟରେ ଆୟୋଜିତ ହେବ ?
୪- ହଂସ-୩ ଟ୍ରେନର ଏୟାରକ୍ରାଫ୍ଟ ସିଏସ୍‌ଆଇଆର୍-ନ୍ୟାଶନାଲ୍ ଏୟାରସ୍ପେସ୍ ଲାବେରୋଟୋରିଜ୍ .........ଠାରେ ଅବସ୍ଥିତ ?
୫- ୱାର୍ଲ୍ଡ ହୋମିଓପାଥି ଡେ' ............. ତାରିଖରେ ପାଳନ କରାଯାଏ ?

## ଗତ ଥରର ଉତ୍ତର

୧ କେରଳ
୨ ଝାଡ଼ଖଣ୍ଡ
୩ ବିହାର
୪ ନନ୍‌କନ ସାହିବ
୫ ହସ୍ତତନ୍ତ ଇଣ୍ଡଷ୍ଟ୍ରି

## ଉତ୍ତରଦାତା


ମାନସ ରଞ୍ଜନ ପଟ୍ଟନାୟକ, ଭୁବନେଶ୍ୱର


ପ୍ରଦୀପ କୁମାର ନାଏକ ବଲାଙ୍ଗୀର

## ଟପ୍ ୧୦

### ପୃଥିବୀର ଲୋକପ୍ରିୟ ଗଲ୍ଫ ଖେଳାଳି



୧- ସ୍କଟି ସେଫଲର୍....................................... ଆମେରିକା
୨- ରୋରୀ ମାଇକେଲ୍‌ରଏ............................. ନର୍ଦନ ଆୟର୍ଲାଣ୍ଡ
୩- ଜ୍ୟାଣ୍ଡର ସୌଫେଲ୍.................................. ଆମେରିକା
୪- କଲିନ୍ ମୋରିକାୱା.................................. ଆମେରିକା
୫- ଲୁଡ୍‌ଭିଗ୍ ଆବର୍ଗ ..................................... ସ୍ୱେଡେନ୍
୬- ହିଡେକି ମାତ୍ସୁୟାମା.................................... ଜାପାନ
୭- ରସେଲ୍ ହେନ୍‌ଲେ .................................... ଆମେରିକା
୮- ଜଷ୍ଟିନ୍ ଥୋମାସ୍.................................... ଆମେରିକା
୯- ଭିକ୍ଟର ହଭ୍‌ଲାଣ୍ଡ........................................ ନରୱେ
୧୦- ପାର୍ଟିକ୍ କ୍ୟାଣ୍ଟଲେ................................... ଆମେରିକା

## ଅଭୁଲା ଅନୁଭୂତି

# କୋଇଲି-କାନ୍ତ, ଆଉ ଚାରିଦିନ ରହିଥାଆନ୍ତ



ହୃଦୟକୁ ଛୁଇଁଥିବା କଥା ମରିବାଯାଏ ମନେ ରହେ। ସେମିତି ଅନେକ ଘଟଣା ମୋ' ହୃଦୟକୁ ଛୁଇଁଛି। ମୁଁ ଆଜି ବି ମନେରଖିଛି ପଣା ସଂକ୍ରାନ୍ତି ଦିନର ସେଇ ଗୀତ: ''କୋଇଲି-କାନ୍ତ, ଆଉ ଚାରିଦିନ ରହିଥାଆନ୍ତ, ପିଠାପଣା କେତେ ଖାଇ ଥାଆନ୍ତ।'' ମୋ ପିଲାବେଳର କଥା। ଭଉଣୀମାନେ ପଣାସଂକ୍ରାନ୍ତିର ସାତ ଦିନ ପୂର୍ବରୁ ମାଟିରେ ଦୁଇଟା କୋଇଲି ତିଆରି କରି ସେମାନଙ୍କୁ ପୂଜା କରନ୍ତି। ମାଟିର ପିଢ଼ା ଉପରେ କୋଇଲି ଦମ୍ପତି ଛିଡ଼ା ହୁଅନ୍ତି ଓ ତାଙ୍କ ଥଣ୍ଟ ତଳେ ଦୁଇଟା ହାତ ତିଆରି ମାଟିଗିନା ରହେ। ଅଣ୍ଡିରା କୋଇଲିର କଳା ଦେହରେ ଧଳା ଧଳା ଟିପା ଥାଏ। ମାଈ କୋଇଲିର ଦେହ ପୂରା କଳା ଥାଏ ଓ ନାକରେ ନୋଥ ଝୁଲିଥାଏ। ସବୁଦିନ ସକାଳେ ମୁଢ଼ିସତୁ(ଛତୁଆ) ଓ ବୁଟସତୁ ଭୋଗ ଲଗେଇ ମାଳତୀ ଫୁଲରେ ପୂଜା କରାଯାଏ। ଏପ୍ରିଲ ମାସରେ ଖରା ହୁଏ ବୋଲି ତାଙ୍କ ମୁଣ୍ଡ ଉପରେ ମାଟିର ଛତା ବି ରହେ। ପୂଜା ସରିବା ପରେ ତାଙ୍କ ଉପରେ ହଳଦିଆ ରଙ୍ଗର କପଡ଼ା ଘୋଡ଼େଇ ଦିଆଯାଏ। ଭଉଣୀମାନେ କୋଇଲି ପାଖରେ ଯାହା ଭୋଗ ଲଗାନ୍ତି, ମତେ ବି ଖାଇବାକୁ ଦିଅନ୍ତି। ତେଣୁ ଅନ୍ୟ ସମୟରେ ମୁଁ ଭଉଣୀମାନଙ୍କର କଥା ଶୁଣେ କି ନ ଶୁଣେ, ପୂଜାବେଳେ କିନ୍ତୁ ଭୋଗ ଖାଇବା ଲୋଭରେ ତାଙ୍କର ସବୁ କଥା ମାନେ।

ପଣାସଂକ୍ରାନ୍ତି ଦିନ କୋଇଲି ଦମ୍ପତି ବିଦାୟ ନିଅନ୍ତି। ସେଦିନ ସେମାନେ ଦିନ ୧୨ଟା ଭିତରେ ୩ ଥର ପୂଜା ପାଆନ୍ତି। କୋଇଲିମାନେ ଅଲଗା ଅଲଗା ଭୋଗ ଖାଆନ୍ତି। ଥରେ ସତୁ, ଆଉ ଥରେ ଭିଜା ବୁଟମୁଗ ଓ ଶେଷରେ ଛେନା-କଦଳୀମିଶା ବେଲପଣା। ତା' ପରେ ବିଦାୟ ପର୍ବ ଆରମ୍ଭ ହୁଏ। ବିଦାୟ ସମୟରେ ଭାରଥୋର ରୂପରେ ଛୋଟ ଛୋଟ ମାଟି (ହାଣ୍ଡି) ଆଟିକାରେ ମୁଢ଼ିସତୁ, ବୁଟସତୁ ଓ ପଣା ଦିଆହୁଏ। ଭଉଣୀମାନେ କାନ୍ଦ କାନ୍ଦ ହୋଇ କୋଇଲି ମେଢ଼କୁ ଧରି ଧରି ଆମ ଆମ୍ବ ବଗିଚାକୁ ଚାଲନ୍ତି ଓ ମୁଁ ଭାର ବୋହିକି ତାଙ୍କ ପଛେ ପଛେ ଚାଲେ। ପଣାସଂକ୍ରାନ୍ତିର ଯେଉଁ ଗୀତ କଥା କହୁଥିଲି, ଗଲାବେଳେ ସେଇ ଗୀତକୁ ମୁଁ ଜୋର ଜୋର ଗାଏ। ବଗିଚାର ଗୋଟେ ଆମ୍ବଗଛରେ କଞ୍ଚା ତାଳ ବରଡ଼ାରେ କୋଇଲିଙ୍କ ପାଇଁ ଘର ତିଆରି ହୋଇଥାଏ। ସେହି ଘର ଭିତରେ ଭାର ସହିତ କୋଇଲିମାନଙ୍କୁ ରଖି ଆମେ ମନ ଦୁଃଖରେ ଫେରିଆସୁ। ଭଉଣୀମାନେ ମତେ ପଚିଶି ପଇସା ଦିଅନ୍ତି। ତା' ପରେ ବଗିଚାକୁ ଗଲେ କୋଇଲି ଦୁଇଟା ବାହାରକୁ ଉଡ଼ି ନ ଯାଇ ବରଡ଼ା ଭିତରେ ସେମିତି ବସିଥିବାର ଦେଖେ। ମୁଁ ମନ ଦୁଃଖରେ ସେମାନଙ୍କୁ କହେ, ''ଏଇଠି ବସିଲେ କ'ଣ ଲାଭ? ଆଉ ଚାରି ଦିନ ଆମ ଘରେ ରହିଥିଲେ ତୁମେ ବି ଭଲ ଭଲ ଭୋଗ ଖାଉଥାଆନ୍ତ, ମତେ ବି ଦେଉଥାଆନ୍ତ।''

– **ଡ. କମଳାକାନ୍ତ ଜେନା**, ଓଇଏସ୍, ଭଦ୍ରକ ସରକାରୀ ମହାବିଦ୍ୟାଳୟ

ଧରିତ୍ରୀ 51 Years
ଧରିତ୍ରୀ DHARITRI
www.orissakhabar.com/ www.dharitri.com | ପୃଷ୍ଠା ୧୨ | Press Regd. No. R.N. 21326/74 Postal Regd. No. BN/42/24-26. | ଭୁବନେଶ୍ୱର, ରବିବାର, ୧୩ ଏପ୍ରିଲ, ୨୦୨୫ | Bhubaneswar, Sunday, 13 April, 2025

# ମୋହନ ବାଗାନ ସୁପର ଜାଏଣ୍ଟ ଚାମ୍ପିୟନ



ଆଇଏସ୍ଏଲ୍-୨୦୨୫ ଚାମ୍ପିୟନ୍ ମାହନବାଗାନ ସୁପର ଜାଏଣ୍ଟ ଦଳ।

**କୋଲକାତା, ୧୨।୪**

ମୋହନବାଗାନ ସୁପର ଜାଏଣ୍ଟ ଇଣ୍ଡିଆନ ସୁପର ଲିଗ୍ (ଆଇଏସ୍ଏଲ୍) ୨୦୨୪-୨୫ ସିଜନର ଟାଇଟଲ ବିଜେତା ହୋଇଛି। ସ୍ଥାନୀୟ ଯୁବ ଭାରତୀ କ୍ରୀଡ଼ାଙ୍ଗନରେ ଶନିବାର ଅନୁଷ୍ଠିତ ଫାଇନାଲରେ ଦଳ ୨-୧ ଗୋଲ୍‌ରେ ବେଙ୍ଗାଲୁରୁ ଏଫ୍‌ସିକୁ ପରାସ୍ତ କରିଛି। ସଂଘର୍ଷପୂର୍ଣ୍ଣ ଫାଇନାଲର ପ୍ରଥମାର୍ଦ୍ଧ ଖେଳ ଗୋଲଶୂନ୍ୟ ରହିଥିଲା। ତେବେ ଦ୍ୱିତୀୟାର୍ଦ୍ଧ ଖେଳ ତଥା ଖେଳର ୪୯ତମ ମିନିଟ୍‌ରେ ମୋହନ ବାଗାନର ଅଲବର୍ଟୋ ରୋଡ୍ରିଗ୍ସଙ୍କ ଆତ୍ମଘାତୀ ଗୋଲ୍‌ରେ ବେଙ୍ଗାଲୁରୁ ଏଫ୍‌ସି ୧-୦ରେ ଅଗ୍ରଣୀ ଲାଭ କରିଥିଲା। ପରେ ୭୨ତମ ମିନିଟ୍‌ରେ ଜାସନ କୁମିଙ୍ଗ୍ସ ପେନାଲ୍ଟିକୁ ଗୋଲରେ ପରିଣତ କରି ମ୍ୟାଚ୍‌କୁ ୧-୧ ସ୍ଥରକୁ ନେଇ ଆସିଥିଲେ। ନିର୍ଦ୍ଧାରିତ ସମୟ ଖେଳ ଅମୀମାଂସିତ ରହିବାରୁ ଅତିରିକ୍ତ ସମୟ ଖେଳ ହୋଇଥିଲା। ଏଥିରେ ଖେଳର ୯୬ତମ ମିନିଟ୍‌ରେ ଅଷ୍ଟ୍ରେଲୀୟ ଫରୱାର୍ଡ ଜେମି ମ୍ୟାକଲରେନଙ୍କ ଗୋଲ୍ ବଳରେ ମୋହନ ବାଗାନ ଦଳ ବିଜୟ ଲାଭ କରିଥିଲା। ଶନିବାର ଏହି ବିଜୟ ଦ୍ୱାରା ମୋହନ ବାଗାନ ଏଥର ଉଭୟ ଆଇଏସ୍ଏଲ୍ ଶିଲ୍ଡ ଓ ଆଇଏସ୍ଏଲ୍ ଟ୍ରଫି ହାସଲ କରିବାର ଗୌରବ ଅର୍ଜନ କରିଛି।

- ବେଷ୍ଟ ଗ୍ରାସ୍‌ରୁଟ୍ ପ୍ରୋଗ୍ରାମ: ଜାମସେଦପୁର ଏଫ୍‌ସି।
- ବେଷ୍ଟ ଏଲିଟ୍ ୟୁଥ୍ ପ୍ରୋଗ୍ରାମ: ପଞ୍ଜାବ ଏଫ୍‌ସି।
- ଗୋଲ୍‌ଡେନ ଗ୍ଲୋଭ ଆୱାର୍ଡ: ବିଶାଲ କେଥ୍ (ମୋହନ ବାଗାନ)।
- ଏମର୍ଜିଂ ପ୍ଲେୟର ଅଫ୍ ଦି ଇୟର: ବ୍ରିସନ ଫର୍ନାଣ୍ଡିଜ (ଏଫ୍‌ସି ଗୋଆ)।
- ଗୋଲ୍ଡେନ ବୁଟ୍ ଆୱାର୍ଡ: ଆଲାଏଦିନ୍ ଆଜାରେ (ନର୍ଥଇଷ୍ଟ ୟୁନାଇଟେଡଏଫ୍‌ସି)।

# ପାର୍ବତୀଙ୍କୁ ୨ ସ୍ୱର୍ଣ୍ଣ ପଦକ

## ଖେଲୋ ମାଷ୍ଟର୍ସ ନ୍ୟାଶନାଲ ଗେମ୍ସ

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**

ନୂଆଦିଲ୍ଲୀର ରାଜ୍ୟଗୋଷ୍ଠୀ କ୍ରୀଡ଼ା ଗ୍ରାମ ଷ୍ଟାଡିୟମରେ ୧୧ ଓ ୧୨ ତାରିଖ ଦୁଇଦିନ ଧରି ଅନୁଷ୍ଠିତ ଖେଲୋ ମାଷ୍ଟର ନ୍ୟାଶନାଲ ଗେମ୍ସରେ ଓଡ଼ିଶାର ଅନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଆଥ୍‌ଲେଟ ପାର୍ବତୀ ସେଠୀଙ୍କୁ ୨ଟି ସ୍ୱର୍ଣ୍ଣ ପଦକ ମିଳିଛି। ଉଭୟ ଡିସକସ୍ ଓ ଶଟ୍‌ପୁଟ୍ ଇଭେଣ୍ଟରେ ସ୍ୱର୍ଣ୍ଣିମ ସଫଳତା ଲାଭକରି ରାଜ୍ୟକୁ ଗର୍ବିତ କରିଛନ୍ତି ଏହି ତାରକା ଆଥଲେଟ୍। ୧୯୯୦ରୁ ସ୍କୁଲ ସ୍ତରରୁ କ୍ରୀଡ଼ା ଜୀବନ ଆରମ୍ଭ କରିଥିବା ପାର୍ବତୀ ୨୦୨୫ ମଧ୍ୟରେ ଜାତୀୟ ସବ୍‌ଜୁନିୟର, ଜୁନିୟର, ସିନିୟର ଓ ଅନ୍ତର୍ଜାତୀୟ ସ୍ତରରେ ମାଷ୍ଟର୍ସ ଗେମ୍ସରେ ନିଜ ପ୍ରଦର୍ଶନର ଛାପ ଛାଡ଼ିବାରେ ଲାଗିଛନ୍ତି। ରାଜ୍ୟର ପ୍ରଥମ ଡିସ୍‌କସ୍ କୁଇନ୍‌ଭାବେ ପରିଚିତ ପାର୍ବତୀ ସମ୍ପ୍ରତି




ଇଷ୍ଟକୋଷ୍ଟ ରେଲୱେରେ କାର୍ଯ୍ୟରତ। କଠିନ ପରିଶ୍ରମ ଓ ଅଧ୍ୟବସାୟ ଦ୍ୱାରା ୩୫ ବର୍ଷ ଧରି ଆଥ୍‌ଲେଟିକ୍ସରେ ତିଷ୍ଠି ରହି ଏକାଧିକ ପ୍ରତିଯୋଗିତାରେ ପଦକ ହାସଲ ଧାରା ଜାରି ରଖିଥିବାରୁ ସେ ରାଜ୍ୟ ସରକାରଙ୍କ କ୍ରୀଡ଼ା ବିଭାଗ ପକ୍ଷରୁ ପ୍ରଦାନ କରାଯାଉଥିବା ଲାଇଫ୍‌ଟାଇମ୍ ଆଚିଭ୍‌ମେଣ୍ଟ ପୁରସ୍କାରର ଦୃଢ଼ ଦାବିଦାର ହୋଇଯାଇଛନ୍ତି।

# ରାଖାଲ୍‌ଙ୍କୁ ରୌପ୍ୟ, ମାଳତୀଙ୍କୁ ବ୍ରୋଞ୍ଜ

## ପାରା ଫେନ୍‌ସିଂ ସାଟେଲାଇଟ କପ

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**

ହଂକଂରେ ଚାଲିଥିବା ହୁଇଲ ଚେୟାର ପାରା ଫେନ୍‌ସିଂ ସାଟେଲାଇଟ କପରେ ଓଡ଼ିଶାର ରାଖାଲ୍ କୁମାର ସେଠୀ ୨ଟି, ମାଳତୀ ପାନଉରେ ଗୋଟିଏ ପଦକ ଜିତିଛନ୍ତି। ରାଖାଲ୍ ସାବର ବ୍ୟକ୍ତିଗତ ଇଭେଣ୍ଟରେ ରୌପ୍ୟ ଓ ଇପିରେ ବ୍ରୋଞ୍ଜ ପଦକ ହାସଲ କରିଛନ୍ତି। ସେହିପରି ମାଳତୀ ମହିଳା ଇପି ବ୍ୟକ୍ତିଗତ ଇଭେଣ୍ଟରେ ବ୍ରୋଞ୍ଜ ପଦକ ଅର୍ଜନ କରିଛନ୍ତି। ପାରା ସ୍ପୋର୍ଟ୍ସ ଆସୋସିଏଶନ୍ ଅଫ୍ ଓଡ଼ିଶାର ସଭାପତି କମଳାକାନ୍ତ ରଥ, ସମ୍ପାଦକ ସୁନୀଲ ପ୍ରଧାନ ଓ ପାରା ଫେନ୍‌ସିଂ ଓଡ଼ିଶାର ଅଧ୍ୟକ୍ଷ ବେଲା ଜୈସୱାଲ୍ ଉଭୟ ପ୍ରତିଯୋଗୀଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

# ବିଏସ୍‌ଏଫ୍‌କୁ ୧୧-୦ରେ ହରାଇଲା ଓଡ଼ିଶା

## ସର୍ବଭାରତୀୟ ପୋଲିସ ହକି

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**

କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ୭୩ତମ ସର୍ବଭାରତୀୟ ପୋଲିସ ହକି ଚାମ୍ପିୟନଶିପ୍‌ର ଶୁକ୍ରବାର ଅନୁଷ୍ଠିତ ଏକ ମ୍ୟାଚରେ ଓଡ଼ିଶା ମହିଳା ପୋଲିସ ଦଳ ୧୧-୦ ଗୋଲରେ ବିଏସ୍‌ଏଫ୍‌କୁ ପରାସ୍ତ କରିଛି। ଅନ୍ୟ ମ୍ୟାଚଗୁଡ଼ିକ ମଧ୍ୟରେ ମଧ୍ୟପ୍ରଦେଶ ୩-୨ରେ ତ୍ରିପୁରା, ତାମିଲନାଡୁ ମହିଳା ଦଳ ୪-୦ରେ ମହାରାଷ୍ଟ୍ର, ତାମିଲନାଡୁ ୧୨-୨ରେ ପୁଡୁଚେରୀ ଓ ରାଜସ୍ଥାନ ୫-୦ ଗୋଲରେ ଉତ୍ତରାଖଣ୍ଡକୁ ହରାଇ ଦେଇଛି। ଅତିରିକ୍ତ ଆରକ୍ଷୀ ମହାନିର୍ଦ୍ଦେଶକ(ମୁଖ୍ୟାଳୟ) ତଥା ଆୟୋଜନ କମିଟିର ଉପସଭାପତି ଦୟାଲ ଗଙ୍ଗୱାର, ଆ ଇ ଜି (ତାଲିମ) ତଥା ଆୟୋଜନ କମିଟିର ସମ୍ପାଦକ ଅନୁପ କୁମାର ସାହୁ, ଡିଆଇଜି (ପ୍ରୋଭିଜନିଂ) ଚରଣ ସିଂ ମିନା, ଡିଆଇଜି (କାର୍ମିକ) ଯୁଗଳ କିଶୋର ବନୋଥ ପ୍ରମୁଖ ବିଭିନ୍ନ ମ୍ୟାଚଗୁଡ଼ିକରେ ଅତିଥି ଭାବେ ଯୋଗଦେଇ ଖେଳାଳିଙ୍କୁ ଉତ୍ସାହିତ କରିଥିଲେ।


ବିଏସ୍‌ଏଫ୍ ବିପକ୍ଷରେ ବିଜୟୀ ଓଡ଼ିଶା ମହିଳା ହକି ଦଳ।

# ରାମେଶ୍ୱରର ଡବଲ ବିଜୟ

**ଭୁବନେଶ୍ୱର, ୧୨।୪ (ତପନ ସ୍ୱାଇଁ)**

ରାମେଶ୍ୱର ସ୍ପୋର୍ଟିଂ କ୍ଲବ ଆନୁକୂଲ୍ୟରେ ବିଏମ୍ ହାଇସ୍କୁଲ ପଡ଼ିଆରେ ଚାଲିଥିବା ୭ମ ଜୁନିୟର କ୍ରିକେଟ ଟୁର୍ନାମେଣ୍ଟର ଶନିବାର ଅନୁଷ୍ଠିତ ୨ଟି ଯାକ ମ୍ୟାଚରେ ଆୟୋଜକ ଦଳ ବିଜୟୀ ହୋଇଛି। ୧୮ ବର୍ଷରୁ କମ୍ ପ୍ରତିଯୋଗିତା କମଳା ପରିଡ଼ା ଓ ୧୫ ବର୍ଷରୁ କମ୍ ପ୍ରତିଯୋଗିତା ଅମରେନ୍ଦ୍ର ପ୍ରସାଦ ବଳ ସ୍ମାରକୀ ଭାବେ ବିବେଚିତ ହେଉଛି। ୧୮ ବର୍ଷରୁ କମ୍ ବର୍ଗରେ ରାମେଶ୍ୱର ୪୮ ରନରେ ଆଲ୍‌ଫା ସ୍ପୋର୍ଟିଂକୁ ପରାସ୍ତ କରିଛି। ରାମେଶ୍ୱର ୨୭.୨ ଓଭରରେ ୧୨୪ ରନ କରି ଅଲ୍‌ଆଉଟ ହୋଇଥିଲା। ତୀର୍ଥଙ୍କର ସାହୁ ୫୦ ରନ କରିଥିଲେ। ଜବାବରେ ଆଲ୍‌ଫା ୧୩.୧ ଓଭରରେ ୭୬ ରନ କରି ଅଲ୍‌ଆଉଟ ହୋଇଥିଲା। ରାମେଶ୍ୱରର ଶୁଭ୍ରକାନ୍ତ ପରିଡ଼ା ମାତ୍ର ୯ ରନ ଦେଇ ୫ ଉଇକେଟ ହାସଲ କରିବାରୁ ପ୍ଲେୟର ଅଫ୍ ଦି ମ୍ୟାଚ ବିବେଚିତ ହୋଇଥିଲେ। ୧୫ ବର୍ଷରୁ କମ୍ ବର୍ଗରେ ଏଲ୍‌ଏଲ୍‌ସିସି ୧୯.୪ ଓଭରରେ ୯ ଉଇକେଟ ହରାଇ ୧୦୫ ରନ କରିଥିଲା। ରାମେଶ୍ୱର ୧୫ ଓଭରରେ ୫ ଉଇକେଟ ହରାଇ ୮୯ ରନ କରିଥିବାବେଳେ ବର୍ଷା ଯୋଗୁ ଖେଳ ବାଧାପ୍ରାପ୍ତ ହୋଇଥିଲା। ଡକ୍‌ୱର୍ଥ ଲୁଇସ ନିୟମରେ ରାମେଶ୍ୱର ବିଜୟୀ ଘୋଷିତ ହୋଇଥିଲା। ଲିଓନେଲ ମେହେର ପ୍ଲେୟର ଅଫ୍ ଦି ମ୍ୟାଚ ବିବେଚିତ ହୋଇଥିଲେ। ରବିବାର ୧୮ ବର୍ଷରୁ କମ୍ ବର୍ଗରେ ରାମେଶ୍ୱର ଓ ପାରାମାଉଣ୍ଟ ସ୍ପୋର୍ଟିଂ ମଧ୍ୟରେ ଫାଇନାଲ ହେବ।

**ଆଇପିଏଲ୍ କାର୍ଯ୍ୟସୂଚୀ**

(ଆଜିର ମ୍ୟାଚ)
ରାଜସ୍ଥାନ ବନାମ ବେଙ୍ଗାଲୁରୁ
ସ୍ଥାନ: ଜୟପୁର
ସମୟ: ଅପରାହ୍ନ ୩.୩୦

ଦିଲ୍ଲୀ ବନାମ ମୁମ୍ବାଇ
ସ୍ଥାନ: ଦିଲ୍ଲୀ
ସମୟ: ସନ୍ଧ୍ୟା ୭.୩୦

ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ

# ସମ୍ବଲପୁରରେ ନୌକାଚାଳନା ପ୍ରତିଯୋଗିତା

- ବାଜି ମାରିଲା ସୁବର୍ଣ୍ଣପୁର ଜିଲା
- ସୁଶାନ୍ତ ଡନସନା ଓ ଦୁରବିନ ମୁଦୁଲି ଯୋଡ଼ି


ଶନିବାର ମହାନଦୀ ଅଯୋଧ୍ୟା ସରୋବର ଘାଟରେ ସମ୍ବଲପୁର ହାଟପଡ଼ା ବୀର ବଜରଙ୍ଗ ସଂଘ ଆୟୋଜିତ ରାଜ୍ୟ ସ୍ତରୀୟ ନୌକା ଚାଳନା ପ୍ରତିଯୋଗିତା।

**ସମ୍ବଲପୁର, ୧୨।୪ (ବି.ଶଙ୍କର)**

ସ୍ୱଚ୍ଛ ମହାନଦୀ ବାର୍ତ୍ତା ନେଇ ସମ୍ବଲପୁର ହାଟପଡା ବୀର ବଜରଙ୍ଗ ସଂଘ ଆୟୋଜିତ ଦ୍ୱିତୀୟ ମୀନକେତନ ଦେହେରୀ ସ୍ମାରକୀ ରାଜ୍ୟସ୍ତରୀୟ ନୌକା ଚାଳନା ପ୍ରତିଯୋଗିତା ଶନିବାର ମହାନଦୀ ଅଯୋଧ୍ୟା ସରୋବର ଘାଟରେ ଅନୁଷ୍ଠିତ ହୋଇଯାଇଛି। ଉତ୍ତରାଞ୍ଚଳ ପୋଲିସ ଆଇଜି ହିମାଂଶୁ କୁମାର ଲାଲ ମୁଖ୍ୟ ଅତିଥି ଓ ସମ୍ବଲପୁର ଜିଲା ଭାଜପା ସଭାପତି ଗିରିଶ ପଟେଲ ସମ୍ମାନିତ ଅତିଥିଭାବେ ଯୋଗଦେଇ ମହାନଦୀର ଅଯୋଧ୍ୟା ସରୋବର ଘାଟରେ ପ୍ରତିଯୋଗିତାର ଶୁଭାରମ୍ଭ କରିଥିଲେ। ପ୍ରତିଯୋଗିତାରେ ସମ୍ବଲପୁର ସମେତ ସୁବର୍ଣ୍ଣପୁର, ବୌଦ୍ଧ, ବରଗଡ଼ ଜିଲାର ୩୬ ଯୋଡି ନୌକା ଚାଳକ ଭାଗ ନେଇଥିଲେ। ପ୍ରତିଯୋଗିତାରେ ୧୨ଟି ଦଳକୁ ନେଇ ମୋଟ ୩ଟି ପର୍ଯ୍ୟାୟରେ ପ୍ରତିଯୋଗିତା ହୋଇଥିଲା। ସମସ୍ତଙ୍କୁ ପଛରେ ପକାଇ ସୁବର୍ଣ୍ଣପୁର ଜିଲା ଚଢ଼େଇପଙ୍କ ଗ୍ରାମର ସୁଶାନ୍ତ ଡନସନା ଓ ଦୁରବିନ ମୁଦୁଲି ଯୋଡି ଶ୍ରେଷ୍ଠ ସ୍ଥାନ ଅଧିକାର କରିଛନ୍ତି। ସେହିପରି ସୋନପୁରର ପ୍ରକାଶ ନାଏକ ଓ ପ୍ରଭାତ ମହାଲିଙ୍ଗ ଯୋଡି ଦ୍ୱିତୀୟ, କିଶାନ ନାଏକ ଓ ଶିବ ମାଝି ଯୋଡି ତୃତୀୟ ଏବଂ ସୁବର୍ଣ୍ଣପୁର ଜିଲା କେଉଁଟପାଲି ଗ୍ରାମର ସୌରଭ ମହାଲିଙ୍ଗ ଓ ମୁକେଶ ତରିଆ ଯୋଡି ଚତୁର୍ଥ ସ୍ଥାନ ହାସଲ କରିଥିଲେ।

# ଗୁଜରାଟକୁ ହରାଇଲା ଲକ୍ଷ୍ନୌ

**ଲକ୍ଷ୍ନୌ, ୧୨।୪**

## ମାରକ୍ରମ ପ୍ଲେୟର ଅଫ୍ ଦି ମ୍ୟାଚ

ଇଣ୍ଡିଆନ ପ୍ରିମିୟର ଲିଗ୍ ଶନିବାର ଡବଲ ହେଡରର ପ୍ରଥମ ମ୍ୟାଚରେ ଲକ୍ଷ୍ନୌ ସୁପର ଜାଏଣ୍ଟ ୬ ଉଇକେଟରେ ଗୁଜରାଟ ଟାଇଟନ୍ସକୁ ହରାଇ ଦେଇଛି। ଗୁଜରାଟ ୨୦ ଓଭରରେ ୬ ଉଇକେଟ ହରାଇ ୧୮୦ ରନ କରିଥିବାବେଳେ ଲକ୍ଷ୍ନୌ ୧୯.୩ ଓଭରରେ ୪ ଉଇକେଟ ହରାଇ ୧୮୬ ରନ ସଂଗ୍ରହ କରି ନେଇଥିଲା। ୨ଟି ଚମତ୍କାର କ୍ୟାଚ ସହ ଟପ୍ ଅର୍ଡରରେ ଭଲ ବ୍ୟାଟିଂ କରିଥିବା ଲକ୍ଷ୍ନୌର ଏଡେନ ମାରକ୍ରମ ପ୍ଲେୟର ଅଫ୍ ଦି ମ୍ୟାଚ ବିବେଚିତ ହୋଇଛନ୍ତି। ୬ ମ୍ୟାଚରୁ ଲକ୍ଷ୍ନୌ ୪ର୍ଥ ବିଜୟ ହାସଲ କରିଥିବାବେଳେ ଗୁଜରାଟର ଏହାଥିଲା ଦ୍ୱିତୀୟ ପରାଜୟ।

ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଗୁଜରାଟ ସାଇ ସୁଦର୍ଶନ ଓ ଅଧିନାୟକ ଶୁବମନ ଗିଲ୍‌ଙ୍କ ଓପନିଂ ଭାଗୀଦାରିରେ ୧୨୦ ରନ ଯୋଗକରି ବଡ଼ ସ୍କୋର ପାଇଁ ପ୍ଲାଟ୍‌ଫର୍ମ ପ୍ରସ୍ତୁତ କରିଥିଲା। ମାତ୍ର ଯୋଡ଼ି ଭାଙ୍ଗିବାରେ ଗୁଜରାଟ ଇନିଂସ ହଡ଼ବଡ଼େଇ ଯାଇଥିଲା। ଫଳରେ ୨୦ ଓଭରରେ ଦଳର ସ୍କୋର ୧୮୦ରେ ସୀମିତ ରହି ଯାଇଥିଲା। ଗିଲ୍ ସର୍ବାଧିକ ୬୦ ଓ ସୁଦର୍ଶନ ୫୬ ରନ କରିଥିଲେ। ଲକ୍ଷ୍ନୌ ବୋଲରଙ୍କ ମଧ୍ୟରେ ଶାର୍ଦ୍ଦୂଳ ଠାକୁର ଓ ରବି ବିଷ୍ଣୋଇ ୨ଟି ଲେଖାଏ ଏବଂ ଦିଗ୍‌ଭେସ ରାଠି ଓ ଆଭେସ ଖାଁ ଗୋଟିଏ ଲେଖାଏ ଉଇକେଟ ନେଇଥିଲେ। ଲକ୍ଷ୍ନୌର ଆରମ୍ଭ ମଧ୍ୟ ଭଲ ହୋଇଥିଲା। ଅଧିନାୟକ ରିଷଭ ପନ୍ତ ଯଦିଓ ବଡ଼ ସ୍କୋର କରି ନ ପାରି ୨୧ ରନରେ ଆଉଟ ହୋଇଥିଲେ ତେବେ ଏଡେନ ମାରକ୍ରମ ଓ ଚମତ୍କାର ଫର୍ମରେ ଥିବା ନିକୋଲସ ପୁରନ ଦୃଢ଼ ବ୍ୟାଟିଂ କରି ଦଳର ବିଜୟ ପଥ ପରିଷ୍କାର କରିଥିଲେ। ମାରକ୍ରମ ୩୧ ବଲ୍‌ରୁ ୫୮ (୯ ଚୌକା, ୧ ଛକା) ଓ ପୁରନ ୩୪ ବଲ୍‌ରୁ ୬୧ (୧ ଚୌକା, ୭ ଛକା) ରନ କରିଥିଲେ। ଆୟୁଷ ବଦୋନୀ ୨୮ ରନରେ ଅପରାଜିତ ରହିଥିଲେ। ଗୁଜରାଟ ପକ୍ଷରୁ ପ୍ରସିଦ୍ଧ କ୍ରିଷ୍ଣା ୨ଟି ଏବଂ ରଶିଦ ଖାଁ ଓ ୱାଶିଂଟନ ସୁନ୍ଦର ଗୋଟିଏ ଲେଖାଏ ଉଇକେଟ ନେଇଥିଲେ।

**ସଂକ୍ଷିପ୍ତ ସ୍କୋର**

ଗୁଜରାଟ ଟାଇଟନ୍ସ ୨୦ ଓଭରରେ ୧୮୦/୬ (ଶୁବମନ ଗିଲ୍-୬୦, ସାଇ ସୁଦର୍ଶନ-୫୬, ଶାର୍ଦ୍ଦୂଳ ଠାକୁର-୨/୩୪, ରବି ବିଷ୍ଣୋଇ-୨/୩୬, ଦିଗ୍‌ଭେସ ରାଠି-୧/୩୦, ଆଭେସ ଖାଁ-୩୨)। ଲକ୍ଷ୍ନୌ ସୁପର ଜାଏଣ୍ଟ ୧୯.୩ ଓଭରରେ ୧୮୬/୪ (ନିକୋଲସ ପୁରନ-୬୧, ଏଡେନ ମାରକ୍ରମ-୫୮, ପ୍ରସିଦ୍ଧ କ୍ରିଷ୍ଣା-୨/୨୬, ରଶିଦ ଖାଁ-୧/୩୫, ୱାଶିଂଟନ ସୁନ୍ଦର-୧/୨୮)।

## ଆଇପିଏଲ୍ ପଏଣ୍ଟ ଟେବୁଲ

| ଦଳ | ମ୍ୟାଚ | ବିଜୟ | ପରାଜୟ | ପଏଣ୍ଟ | ରନ ହାର |
|---|---|---|---|---|---|
| ଦିଲ୍ଲୀ କ୍ୟାପିଟାଲ୍ସ | ୪ | ୪ | ୦ | ୮ | +୧.୨୭୮ |
| ଗୁଜରାଟ ଟାଇଟନ୍ସ | ୬ | ୪ | ୨ | ୮ | +୧.୦୮୧ |
| ଲକ୍ଷ୍ନୌ ସୁପର ଜାଏଣ୍ଟ୍ସ | ୬ | ୪ | ୨ | ୮ | +୦.୧୬୨ |
| କୋଲକାତା ନାଇଟ ରାଇଡର୍ସ | ୬ | ୩ | ୩ | ୬ | +୦.୮୦୩ |
| ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ | ୫ | ୩ | ୨ | ୬ | +୦.୫୩୯ |
| ପଞ୍ଜାବ କିଙ୍ଗ୍ସ | ୫ | ୩ | ୨ | ୬ | +୦.୦୬୫ |
| ରାଜସ୍ଥାନ ରୟାଲ୍ସ | ୫ | ୨ | ୩ | ୪ | -୦.୭୩୩ |
| ସନ୍‌ରାଇଜର୍ସ ହାଇଦ୍ରାବାଦ | ୬ | ୨ | ୪ | ୪ | -୧.୨୪୫ |
| ମୁମ୍ବାଇ ଇଣ୍ଡିଆନ୍ସ | ୫ | ୧ | ୪ | ୨ | -୦.୦୧୦ |
| ଚେନ୍ନାଇ ସୁପର କିଙ୍ଗ୍ସ | ୬ | ୧ | ୫ | ୨ | -୧.୫୫୪ |

# ଅଭିଷେକଙ୍କ ଶତକରେ ହାଇଦ୍ରାବାଦ ବିଜୟୀ

**ହାଇଦ୍ରାବାଦ, ୧୨।୪**

ଅଭିଷେକ ଶର୍ମାଙ୍କ ବିସ୍ଫୋରକ ଶତକ ବଳରେ ସନ୍‌ରାଇଜର୍ସ ହାଇଦ୍ରାବାଦ (ଏସ୍‌ଆର୍‌ଏଚ୍) ୮ ଉଇକେଟରେ ପଞ୍ଜାବ କିଙ୍ଗ୍ସ (ପିବିକେଏସ୍)କୁ ପରାସ୍ତ କରିଛି। ହାଇସ୍କୋରିଂ ମ୍ୟାଚରେ ପିବିକେଏସ୍ ପକ୍ଷରୁ ଧାର୍ଯ୍ୟ ୨୪୬ ରନର ବିଜୟ ଲକ୍ଷ୍ୟକୁ ହାଇଦ୍ରାବାଦ ୧୮.୩ ଓଭରରେ ୨ ଉଇକେଟ ହରାଇ ହାସଲ କରି ନେଇଥିଲା। ଟାର୍ଗେଟର ପିଛା କରି ମ୍ୟାଚ୍ ଜିତିବାରେ ଏହା ଆଇପିଏଲ୍ ଇତିହାସରେ ଦ୍ୱିତୀୟ ସବୁଠୁ ବଡ଼ ବିଜୟ। ଏହା ହାଇଦ୍ରାବାଦ ଲାଗି ଦ୍ୱିତୀୟ ବିଜୟ ହୋଇଥିବା ବେଳେ ପଞ୍ଜାବର ଏହା ଦ୍ୱିତୀୟ ପରାଜୟ।

ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ପଞ୍ଜାବ ନିର୍ଦ୍ଧାରିତ ୨୦ ଓଭରରେ ୬ ଉଇକେଟ ହରାଇ ୨୪୫ ରନ କରିଛି। ଦଳ ପକ୍ଷରୁ ଅଧିନାୟକ ଶ୍ରେୟସ ଆୟର ୩୬ ବଲରେ ୬ ଲେଖାଏ ଚୌକା ଓ ଛକା ସହିତ ସର୍ବାଧିକ ୮୨ ରନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରିୟାଂଶ ଆର୍ଯ୍ୟ ୩୬ (୨ ଚୌକା ଓ ୪ ଛକା), ପ୍ରଭସିମରନ ସିଂ ୪୨ (୭ ଚୌକା ଓ ୧ ଛକା), ମାର୍କସ ଷ୍ଟୋଇନିସ ୩୪ (୧ ଚୌକା ଓ ୪ ଛକା) ଓ ନେହାଲ ୱାଧେରା ୨୭ (୨ ଚୌକା ଓ ୧ ଛକା) ରନ କରିଥିଲେ। ହାଇଦ୍ରାବାଦ ପକ୍ଷରୁ ହର୍ଶଲ ପଟେଲ ୪ଟି ଓ ପଦାର୍ପଣକାରୀ ଇଶାନ ମାଲିଙ୍ଗା ଦୁଇଟି ଉଇକେଟ ନେଇଥିଲେ। ଜବାବରେ ଏସ୍‌ଆର୍‌ଏଚ୍ ପାଇଁ ଅଭିଷେକ ଓ ଟ୍ରାଭିସ ହେଡ୍ ଆରମ୍ଭରୁ ଛକା ଓ ଚୌକା ବର୍ଷା କରିଥିଲେ। ମୁଖ୍ୟତଃ ଅଭିଷେକ ପଞ୍ଜାବର କୌଣସି ବୋଲରଙ୍କୁ ଛାଡ଼ି ନଥିଲେ। ଦୁହେଁ ୧୨.୨ ଓଭରରେ ୧୭୧ ରନ କରି ଦଳର ବିଜୟ ନିଶ୍ଚିତ କରିଥିଲେ। ୩୭ ବଲରେ ୯ ଚୌକା ଓ ୩ ଛକା ସହିତ ହେଡ୍ ୬୬ ରନ କରି ଆଉଟ୍ ହୋଇଥିଲେ। ଅଭିଶେକ ୪୦ ବଲରେ ଶତକ ପୂରଣ କରିଥିଲେ। ଏହା ଆଇପିଏଲ୍‌ରେ ତାଙ୍କର ପ୍ରଥମ ଶତକ ଥିଲା। ସେ ମୋଟ ଉପରେ ୫୫ ବଲରେ ୧୪ ଚୌକା ଓ ୧୦ ଛକା ସହିତ ୧୪୧ ରନ କରି ଆଉଟ୍ ହୋଇଥିଲେ। ଏହା ଭାରତୀୟ କ୍ରିକେଟରଙ୍କ ଲାଗି ଆଇପିଏଲ୍‌ରେ ସର୍ବାଧିକ ବ୍ୟକ୍ତିଗତ ସ୍କୋର। ହାଇଦ୍ରାବାଦ ୧୮.୩ ଓଭରରେ ୨ ଉଇକେଟ ହରାଇ ବିଜୟ ଲକ୍ଷ୍ୟ ହାସଲ କରି ନେଇଥିଲା।



ଶତକ ହାସଲ ପରେ ଉଲ୍ଲସିତ ଅଭିଷେକ ଶର୍ମା।

**ସଂକ୍ଷିପ୍ତ ସ୍କୋର**

ପଞ୍ଜାବ କିଙ୍ଗ୍ସ: ୨୦ ଓଭରରେ ୨୪୫/୬ (ଶ୍ରେୟସ ଆୟର-୮୨, ପ୍ରଭସିମରନ ସିଂ-୪୨, ପ୍ରିୟାଂଶ ଆର୍ଯ୍ୟ-୩୬, ମାର୍କସ ଷ୍ଟୋଇନିସ-୩୪*, ହର୍ଶଲ ପଟେଲ-୪/୪୨, ଇଶାନ ମାଲିଙ୍ଗା-୨/୪୫)। ସନରାଇଜର୍ସ ହାଇଦ୍ରାବାଦ: ୧୮.୨ ଓଭରରେ ୨୪୭/୨ (ଅଭିଷେକ ଶର୍ମା-୧୪୧,ଟ୍ରାଭିସ ହେଡ-୬୬, ୟୁଜବେନ୍ଦ୍ର ଚହଲ-୧/୫୬, ଅର୍ଶଦୀପ ସିଂ-୧/୩୭)।

1-Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, B-15, Industrial Estate, Rasulgarh, Bhubaneswar, Editor - Tathagata Satpathy, ସମ୍ପାଦକ- ତଥାଗତ ସତପଥୀ